# ଧରିତ୍ରୀ
DHARITRI

ଭୁବନେଶ୍ୱର, ସୋମବାର, ଏପ୍ରିଲ ୧୫/୨୦୧୯ (୧୬ ପୃଷ୍ଠା) | Bhubaneswar, Monday, April 15/2019 | ★★★★

୪୫ଶ ଭାଗ ୧୪୦ ସଂଖ୍ୟା | www.orissakhabar.com/www.dharitri.com | Printed at Bhubaneswar, Sambalpur, Angul and Rayagada | ମୂଲ୍ୟ ₹୪/-






“ଜାଲିଆନୱାଲାବାଗ୍ ଗଣହତ୍ୟା ଭଳି ଦୁଃଖଦ ଘଟଣାକୁ ନେଇ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି କଳୁଷିତ ରାଜନୀତି କରୁଛନ୍ତି।
-ଅମରିନ୍ଦର ସିଂ,
ପଞ୍ଜାବ ମୁଖ୍ୟମନ୍ତ୍ରୀ





ଜମ୍ମୁ-କଶ୍ମୀରର କଠୁଆଠାରେ ରବିବାର ଏକ ନିର୍ବାଚନୀ ସଭାରେ ସମର୍ଥକମାନେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ମୁଖା ଧରିଛନ୍ତି।



ସମ୍ବିଧାନ ପ୍ରଣେତା ଭୀମରାଓ ଆମ୍ବେଡକରଙ୍କ ୧୨୮ତମ ଜୟନ୍ତୀ ଅବସରରେ ନୂଆଦିଲ୍ଲୀରେ ରବିବାର ଦିଲ୍ଲୀ ପ୍ରଦେଶ କଂଗ୍ରେସ କମିଟି ସଭାପତି ଶିଳା ଦୀକ୍ଷିତ ଶ୍ରଦ୍ଧାଞ୍ଜଳି ଜଣାଉଛନ୍ତି।



ଗୁଆହାଟୀରେ ରଙ୍ଗୋଲି ବିହୁ ପର୍ବ ପାଳନ ଅବସରରେ ରବିବାର ନୃତ୍ୟାଙ୍ଗନାମାନେ ବିହୁ ନୃତ୍ୟ ପରିବେଷଣ କରୁଛନ୍ତି।

## ସଂକ୍ଷେପରେ

### ଫୁଏଲ୍ ଟ୍ୟାଙ୍କ ବିସ୍ଫୋରଣ: ୧୨ ମୃତ

**କାନୋ(ନାଇଜେରିଆ),୧୪।୪(ଏଏଫ୍‌ପି):** ନାଇଜେରିଆର ଉତ୍ତର ଭାଗସ୍ଥ ଗୋମ୍ବେ ନଗରୀରେ ଏକ ଫୁଏଲ୍ ଟ୍ୟାଙ୍କ ବିସ୍ଫୋରଣ ହେବାଯୋଗୁ ୧୨ ଜଣଙ୍କ ମୃତ୍ୟୁ ଘଟିଥିବା ବେଳେ ୧୬ ଆହତ ହୋଇଛନ୍ତି। ସମ୍ମୁଖ ଭାଗରୁ ଆସୁଥିବା ଆଉ ଏକ ଟ୍ରକ୍‌ରେ ବାଡେଇ ହୋଇଯିବା ଆଶଙ୍କା କରି ଉକ୍ତ ଫୁଏଲ୍ ଟ୍ୟାଙ୍କର ଡ୍ରାଇଭର ନିଜ ଗାଡି ଉପରୁ ନିୟନ୍ତ୍ରଣ ହରାଇଥିଲେ। ଟ୍ୟାଙ୍କରଟି ଭାରସାମ୍ୟ ହରାଇ ରାସ୍ତା ପାର୍ଶ୍ୱକୁ ଖସିଯିବାରୁ ଟ୍ୟାଙ୍କ୍ ଫାଟି ଏଥିରେ ନିଆଁ ଲାଗି ଯାଇଥିଲା। ନିଆଁ ଚତୁଃପାର୍ଶ୍ୱକୁ ବ୍ୟାପିଯିବାରୁ ୧୨ ଲୋକଙ୍କ ମୃତ୍ୟୁ ଘଟିଛି। ୧୬ଜଣ ଗୁରୁତର ଆହତଙ୍କୁ ଚିକିତ୍ସା ପାଇଁ ହସ୍ପିଟାଲ୍‌ରେ ଭର୍ତ୍ତି କରାଯାଇଥିବା ଗୋମ୍ବେ ଷ୍ଟେଟ୍ ପୋଲିସ ମୁଖପାତ୍ର ମ୍ୟାରି ମାଲ୍ଲୁମ୍ ପ୍ରକାଶ କରିଛନ୍ତି।

### ଦ୍ୱିତୀୟ ବିଶ୍ୱଯୁଦ୍ଧର ବୋମା ନିଷ୍କ୍ରିୟ କରାଗଲା

**ବର୍ଲିନ,୧୪।୪:** ଜର୍ମାନୀରୁ ଦ୍ୱିତୀୟ ବିଶ୍ୱଯୁଦ୍ଧ କାଳର ଏକ ବୋମା ଠାବ କରାଯିବା ପରେ ଏହାକୁ ନିଷ୍କ୍ରିୟ କରିବା ପାଇଁ ଫ୍ରାଙ୍କଫର୍ଟ ସହରରୁ ପାଖାପାଖି ୬୦୦ ଲୋକଙ୍କୁ ସ୍ଥାନାନ୍ତର କରାଯାଇଥିଲା। ଯୋଜନା ମୁତାବକ ଉକ୍ତ ବୋମାକୁ ରବିବାର ନଦୀରେ ନିଷ୍କ୍ରିୟ କରାଯିବାବେଳେ ପ୍ରଚଣ୍ଡ ଶବ୍ଦ ହେବା ସହିତ କିଛି ମୁହୂର୍ତ୍ତ ପାଇଁ ଏକ କୃତ୍ରିମ ଝରଣା ସୃଷ୍ଟି ହୋଇଥିଲା। ଅଗ୍ନିଶମ କର୍ମଚାରୀମାନେ ନଦୀରେ ତାଲିମ ନେଉଥିବାବେଳେ ୨୫୦ କିଲୋଗ୍ରାମ ବିଶିଷ୍ଟ ଉକ୍ତ ଆମେରିକୀୟ ବୋମାକୁ ଠାବ କରାଯାଇଥିଲା। ଦ୍ୱିତୀୟ ବିଶ୍ୱଯୁଦ୍ଧ ସମାପ୍ତିର ୭୦ ବର୍ଷ ବିତିଯାଇଥିଲେ ମଧ୍ୟ ଜର୍ମାନୀରୁ ନିୟମିତ ବୋମା ଏବଂ ଅନ୍ୟାନ୍ୟ ମାରଣାସ୍ତ୍ର ଠାବ ଯୁଦ୍ଧର ଭୟାବହତାକୁ ସ୍ପଷ୍ଟ କରୁଛି।

## ■ ୫୦% ଭିଭିପିଏଟି ଯାଞ୍ଚ ଦାବି
# ପୁଣି ସୁପ୍ରିମକୋର୍ଟ ଯିବେ ବିରୋଧୀ

ନୂଆଦିଲ୍ଲୀ,୧୪।୪(ପି.ଟି.)

ଇଲେକ୍ଟ୍ରୋନିକ୍ ଭୋଟିଂ ମେଶିନ୍ (ଇଭିଏମ୍)ର ବିଶ୍ୱସନୀୟତା ଉପରେ ବିରୋଧୀ ଦଳ ସନ୍ଦେହ ବ୍ୟକ୍ତ କରିବା ସହ ଅନ୍ୟୂନ ୫୦ ପ୍ରତିଶତ ଭିଭିପିଏଟି ଯାଞ୍ଚ ଲାଗି ପୁଣି ଥରେ ସୁପ୍ରିମକୋର୍ଟ ଯିବାକୁ ନିଷ୍ପତ୍ତି ନେଇଛନ୍ତି। ନିର୍ବାଚନୀ ପ୍ରକ୍ରିୟାର ସ୍ୱଚ୍ଛତାକୁ ନେଇ କଂଗ୍ରେସ, ତେଲୁଗୁ ଦେଶମ୍ ପାର୍ଟି (ଟିଡିପି), ସମାଜବାଦୀ ପାର୍ଟି, ସିପିଆଇ, ସିପିଆଇ(ଏମ୍) ସମେତ ବିରୋଧୀ ଦଳଗୁଡିକ ଏକ ମିଳିତ ଖବରଦାତା ସମ୍ମିଳନୀରେ ପ୍ରଶ୍ନ ଉଠାଇଛନ୍ତି। ଗଣତନ୍ତ୍ରର ସୁରକ୍ଷା ପାଇଁ ନାଗରିକଙ୍କ ଭୋଟ ଅଧିକାରର ସୁରକ୍ଷା ନିମନ୍ତେ ସେମାନେ ଆହ୍ୱାନ ଦେଇଛନ୍ତି।

ଲୋକ ସଭା ନିର୍ବାଚନ ଜିତିବା ଲାଗି ଭାଜପା ଇଭିଏମ୍‌ର ପ୍ରୋଗ୍ରାମିଂ କରିଥିବା ଦିଲ୍ଲୀ ମୁଖ୍ୟମନ୍ତ୍ରୀ ତଥା ଏଏପି ଆବାହକ ଅରବିନ୍ଦ୍ କେଜ୍‌ରିୱାଲ ଅଭିଯୋଗ କରିଛନ୍ତି। ପ୍ରତି ବିଧାନସଭା ନିର୍ବାଚନ ମଣ୍ଡଳୀର ଇଭିଏମ୍ ଫଳାଫଳ ସହ ଅନ୍ୟୂନ ୫୦ ପ୍ରତିଶତ ଭିଭିପିଏଟି ସ୍ଲିପ୍ ଯାଞ୍ଚ ପାଇଁ ୨୧ଟି ବିରୋଧୀ ଦଳ ଦାବି କରୁଥିବା ଆନ୍ଧ୍ରପ୍ରଦେଶ ମୁଖ୍ୟମନ୍ତ୍ରୀ ଏନ୍. ଚନ୍ଦ୍ରାବାବୁ ନାଇଡୁ କହିଛନ୍ତି। ଶନିବାର ଚନ୍ଦ୍ରାବାବୁ ମୁଖ୍ୟ ନିର୍ବାଚନ କମିଶନ ସୁନୀଲ ଆରୋରାଙ୍କୁ ଭେଟି ବିଭିନ୍ନ ବୁଥ୍‌ରେ ଇଭିଏମ୍ ଅଚଳ ଥିବା ପ୍ରସଙ୍ଗ ଉଠାଇଥିଲେ। ପ୍ରଥମ ପର୍ଯ୍ୟାୟ ନିର୍ବାଚନ ଶେଷ ହେବା ପରେ ପୁଣି



ନୂଆଦିଲ୍ଲୀରେ ବୈଠକରେ ଯୋଗ ଦେଇଥିବା ବିରୋଧୀ ଦଳ ନେତା ଚନ୍ଦ୍ରାବାବୁ ନାଇଡୁ, କପିଲ ସିବଲ, ଅରବିନ୍ଦ କେଜରିୱାଲ ପ୍ରମୁଖ।

ଥରେ ବିରୋଧୀ ଭିଭିପିଏଟି ଯାଞ୍ଚ ଦାବି କରିଛନ୍ତି। ପୂର୍ବରୁ ଏଥିପାଇଁ ବିରୋଧୀ ଦଳ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ବର୍ତ୍ତମାନ ପରିପ୍ରେକ୍ଷୀରେ ଏହା ସମ୍ଭବ ନୁହେଁ ବୋଲି ନିର୍ବାଚନ କମିଶନ (ଇସି) କହିବା ପରେ ପ୍ରତି ବିଧାନସଭା ନିର୍ବାଚନ ମଣ୍ଡଳୀର ୫ଟି ବୁଥ୍‌ରେ ଇଭିଏମ୍ ସହ ଭିଭିପିଏଟି ସ୍ଲିପ୍ ମେଳ କରାଇବାକୁ ସର୍ବୋଚ୍ଚ ଅଦାଲତ ନିର୍ଦ୍ଦେଶ ଦେଇଥିଲେ।

ରବିବାର ଅନୁଷ୍ଠିତ ବିରୋଧୀ ଦଳ ବୈଠକରେ କଂଗ୍ରେସ ନେତା ତଥା ବରିଷ୍ଠ ଆଇନଜୀବୀ କପିଲ ସିବଲ ଏବଂ ଅଭିଷେକ୍ ସିଙ୍ଘଭି ଯୋଗଦେଇ ୫୦% ଭିଭିପିଏଟି ଯାଞ୍ଚ ଲାଗି ପୁଣି ଥରେ ଅଦାଲତ ଯିବା ଲାଗି ପ୍ରସ୍ତାବ ଦେଇଥିଲେ। ଇଭିଏମ୍‌ରେ ପକ୍ଷପାତିତା ନେଇ ବିରୋଧୀ ଦଳଗୁଡ଼ିକ ଦେଶବ୍ୟାପୀ ସଚେତନତା ଅଭିଯାନ ଚଳାଇବା ଲାଗି ସିଙ୍ଘଭି କହିଥିଲେ। ଇଭିଏମ୍‌ରେ ଗୋଟିଏ ଦଳ ପାଇଁ ବଟନ ଦାବିରେ ଅନ୍ୟ ଦଳକୁ ଭୋଟ ଯାଉଛି। ଭିଭିପିଏଟିରେ ୭ ସେକେଣ୍ଡ ବଦଳରେ ମାତ୍ର ୩ ସେକେଣ୍ଡ ପାଇଁ ପେପର ସ୍ଲିପ୍ ଦେଖାଉଥିବା ସିଙ୍ଘଭି ଅଭିଯୋଗ କରିଥିଲେ। ୨୦ରୁ ୨୫ ପ୍ରତିଶତ ଇଭିଏମ୍ ଠିକ୍ ଭାବେ କାମ କରୁ ନ ଥିବାବେଳେ ୫୦% ଭିଭିପିଏଟି ଯାଞ୍ଚ ପାଇଁ ଇସି ରାଜି ନ ହେବା ପଛର ଉଦ୍ଦେଶ୍ୟ ନେଇ ସିବଲ ପ୍ରଶ୍ନ ଉଠାଇଥିଲେ। ଇଭିଏମ୍ ବିଶ୍ୱସନୀୟ ନୁହେଁ। ଭିଭିପିଏଟି ଯାଞ୍ଚ ୫ ବୁଥ୍‌କୁ ବୃଦ୍ଧି କରିବା ଲାଗି ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶରେ ବିରୋଧୀ ଦଳ ସନ୍ତୁଷ୍ଟ ନୁହନ୍ତି। ଏନେଇ ସାନି ପିଟିଶନ୍ ଦାଏର ହେବ ବୋଲି ଚନ୍ଦ୍ରାବାବୁ କହିଥିଲେ।

■ ଇଭିଏମ୍‌ର ପ୍ରୋଗ୍ରାମିଂ କରିଛି ଭାଜପା: କେଜରିୱାଲ

■ ଗୋଟିଏ ଦଳର ବଟନ ଚିପିଲେ ଅନ୍ୟ ଦଳକୁ ଯାଉଛି ଭୋଟ

■ ଇଭିଏମ୍ ବିଶ୍ୱସନୀୟ ନୁହେଁ : ଚନ୍ଦ୍ରାବାବୁ ନାଇଡୁ

## କ୍ୟାବିନେଟ ଓ ରାଜ୍ୟ ସଭାରୁ ବୀରେନ୍ଦ୍ର ସିଂଙ୍କ ଇସ୍ତଫା ପ୍ରସ୍ତାବ

ନୂଆଦିଲ୍ଲୀ,୧୪।୪(ପି.ଟି.)



କେନ୍ଦ୍ର ଇସ୍ପାତ ମନ୍ତ୍ରୀ ଚୌଧୁରୀ ବୀରେନ୍ଦ୍ର ସିଂ ମନ୍ତ୍ରିମଣ୍ଡଳ ଏବଂ ରାଜ୍ୟ ସଭାରୁ ଇସ୍ତଫା ଦେବା ଲାଗି ରବିବାର ପ୍ରସ୍ତାବ ଦେଇଛନ୍ତି। ପୁଅ ବ୍ରିଜେନ୍ଦ୍ର ସିଂଙ୍କୁ ଭାଜପା ହରିୟାଣାର ହିସାରରୁ ପ୍ରାର୍ଥୀ କରିବା ପରେ ବୀରେନ୍ଦ୍ର ନିଜର ସରକାରୀ ବାସଭବନରେ ଖବରଦାତା ସମ୍ମିଳନୀ ଡାକି ଏହା ଘୋଷଣା କରିଛନ୍ତି। ଏ ସମ୍ପର୍କରେ ସେ ଭାଜପା ଅଧ୍ୟକ୍ଷ ଅମିତ ଶାହଙ୍କୁ ଜଣାଇ ଦେଇଛନ୍ତି। ପୁଅକୁ ଲୋକ ସଭା ଟିକେଟ ମିଳିଥିବାରୁ ବଂଶବାଦ ରାଜନୀତି ବିରୋଧରେ ସମାଜକୁ ଏକ ବାର୍ତ୍ତା ଦେବା ଲାଗି ସେ ଇସ୍ତଫା ଦେବାକୁ ଚାହାନ୍ତି ବୋଲି ହରିୟାଣାର ଏହି ବରିଷ୍ଠ ଭାଜପା ନେତା କହିଛନ୍ତି। ନରେନ୍ଦ୍ର ମୋଦିଙ୍କ କ୍ୟାବିନେଟରେ ପ୍ରଥମେ ଗ୍ରାମୀଣ ବିକାଶ, ପଞ୍ଚାୟତିରାଜ, ପାନୀୟଜଳ ଓ ପରିମଳ ମନ୍ତ୍ରୀ ଭାବେ ଦାୟିତ୍ୱ ଗ୍ରହଣ କରିଥିବା ବୀରେନ୍ଦ୍ରଙ୍କୁ ୨୦୧୬ରେ ଇସ୍ପାତ ମନ୍ତ୍ରଣାଳୟକୁ ସ୍ଥାନାନ୍ତର କରାଯାଇଥିଲା। କଂଗ୍ରେସ ସହ ୪ ଦଶନ୍ଧିର ସମ୍ପର୍କ ତୁଟାଇ ବୀରେନ୍ଦ୍ର ୨୦୧୪ରେ ଭାଜପାରେ ଯୋଗ ଦେଇଥିଲେ।

## ସମ୍ବିଧାନ ଧ୍ୱଂସ ଉଦ୍ୟମ ହେଉଛି: ପ୍ରିୟଙ୍କା

ସିଲ୍‌ଚର(ଆସାମ),୧୪।୪(ପି.ଟି.)

ଦେଶର ସମ୍ବିଧାନକୁ ଧ୍ୱଂସ କରିଦେବାକୁ ଭାଜପା ଉଦ୍ୟମ ଚଳାଇଥିବା କଂଗ୍ରେସ ସାଧାରଣ ସମ୍ପାଦକ ପ୍ରିୟଙ୍କା ଗାନ୍ଧୀ ରବିବାର ଅଭିଯୋଗ କରିଛନ୍ତି। ପ୍ରଥମ ଥର ପାଇଁ ଉତ୍ତରପ୍ରଦେଶ ବାହାରେ ଏକ ରୋଡ ଶୋ'ରେ ଯୋଗଦେଇ ପ୍ରିୟଙ୍କା ଭାଜପା ଉପରେ ବର୍ଷିଛନ୍ତି। ଆସାମର ସିଲଚରରେ କଂଗ୍ରେସ ପ୍ରାର୍ଥୀ ତଥା ବର୍ତ୍ତମାନର ଏମ୍‌ପି ସୁସ୍ମିତା ଦେବଙ୍କ ସମର୍ଥନରେ ଏକ ରୋଡ ଶୋରେ ଯୋଗଦେଇ ପ୍ରିୟଙ୍କା କହିଥିଲେ, ପ୍ରଧାନମନ୍ତ୍ରୀ ବିଶ୍ୱ ଭ୍ରମଣ କରୁଥିବାବେଳେ ନିଜ ନିର୍ବାଚନମଣ୍ଡଳୀ ବାରାଣସୀରେ କ୍ୱଚିତ ସମୟ ଦେଇଥାନ୍ତି। ସମ୍ବିଧାନର ପ୍ରଣେତା ବି.ଆର୍. ଆମ୍ବେଡକରଙ୍କ ଜୟନ୍ତୀ ଅବସରରେ କଂଗ୍ରେସ ନେତ୍ରୀ କହିଥିଲେ, ସମ୍ବିଧାନକୁ ସମ୍ମାନ ଦେବା ପ୍ରତ୍ୟେକ ନେତାଙ୍କ କର୍ତ୍ତବ୍ୟ, ଯାହା ଏବେ କରାଯାଉ ନାହିଁ। ଭାଜପାର ନିର୍ବାଚନୀ ଇସ୍ତାହାରକୁ ସମାଲୋଚନା କରି ପୂର୍ବ ଉତ୍ତରପ୍ରଦେଶ ଦାୟିତ୍ୱରେ ଥିବା କଂଗ୍ରେସ ସାଧାରଣ ସମ୍ପାଦକ କହିଥିଲେ, ଏଥିରେ ଭିନ୍ନ ସଂସ୍କୃତି ଓ ଧର୍ମକୁ ସ୍ଥାନ ଦିଆଯାଇ ନଥିବାବେଳେ ସମ୍ବିଧାନକୁ ସମ୍ମାନ ଦିଆଯାଇ ନାହିଁ। ଦଳୀୟ ପ୍ରାର୍ଥୀ ସୁସ୍ମିତାଙ୍କୁ ଉଚ୍ଚ ପ୍ରଶଂସା କରି ପ୍ରିୟଙ୍କା ତାଙ୍କୁ ନିଜ ଜେଜେମା' ତଥା ପୂର୍ବତନ ପ୍ରଧାନମନ୍ତ୍ରୀ ଇନ୍ଦିରା ଗାନ୍ଧୀଙ୍କ ସହ ତୁଳନା କରିଥିଲେ। ସୁସ୍ମିତାଙ୍କଠାରେ ସେଭଳି ସାହସ, ସଚ୍ଚୋଟତା ଓ ଲୋକମାନଙ୍କ ପାଇଁ କାମ କରିବାର ଆଗ୍ରହ ରହିଛି ବୋଲି ପ୍ରିୟଙ୍କା କହିଥିଲେ।



ଆସାମର ସିଲଚରରେ ପ୍ରିୟଙ୍କା ଗାନ୍ଧୀଙ୍କ ରୋଡ଼ ଶୋ।

## ଶ୍ରୀନଗର ଭୋଟ ଗଣତନ୍ତ୍ରର ପରୀକ୍ଷା

ଶ୍ରୀନଗର,୧୪।୪(ପି.ଟି.)

ଜମ୍ମୁ-କଶ୍ମୀରର ଶ୍ରୀନଗର ଲୋକ ସଭା ନିର୍ବାଚନ ମଣ୍ଡଳୀରେ ଆସନ୍ତା ୧୮ ତାରିଖରେ ମତଦାନ ହେବାକୁ ଯାଉଛି, ଯାହା ଗଣତନ୍ତ୍ର ଆହ୍ୱାନର ଅସଲ ପରୀକ୍ଷା ହେବ ବୋଲି କୁହାଯାଉଛି। ପିଡିପି ନେତା ତାରିକ୍ ହମିଦ କାରାଙ୍କ ଇସ୍ତଫା କାରଣରୁ ଦୁଇ ବର୍ଷ ପୂର୍ବେ ସେଠାରେ ଉପନିର୍ବାଚନ ହୋଇଥିଲା। ତେବେ ହିଂସାକାଣ୍ଡ ଯୋଗୁ ମାତ୍ର ୭.୨ ପ୍ରତିଶତ ମତଦାନ ହୋଇଥିଲା। ବିଭିନ୍ନ ସ୍ଥାନରେ ସୁରକ୍ଷାବଳର କାର୍ଯ୍ୟାନୁଷ୍ଠାନ ଯୋଗୁ ୯ ଜଣ ବିକ୍ଷୋଭକାରୀ ନିହତ ହୋଇଥିଲେ। ନିର୍ବାଚନ ଡ୍ୟୁଟିରେ ଥିବା ଯବାନମାନଙ୍କୁ ପଥର ଫିଙ୍ଗାଳିଙ୍କ ଆକ୍ରମଣରୁ ରକ୍ଷା କରିବା ଲାଗି ସେନା ଅଫିସର ଜଣେ ଶାଲ୍ ବୁଣାକାରଙ୍କୁ ମାନବ ଢାଲ ଭାବେ ବ୍ୟବହାର କରିଥିଲେ, ଯାହାକୁ ନେଇ ବିବାଦ ଦେଖାଦେଇଥିଲା।

ଏଥର କୌଣସି ପ୍ରକାର ଅପ୍ରୀତିକର ପରିସ୍ଥିତିର ମୁକାବିଲା ପାଇଁ ପର୍ଯ୍ୟାପ୍ତ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଛି। ଏହି ନିର୍ବାଚନ ମଣ୍ଡଳୀର ୧୦ ପ୍ରାର୍ଥୀଙ୍କ ଭାଗ୍ୟ ନିର୍ଦ୍ଧାରଣ କରିବେ ୧୨,୯୦,୩୧୮ ଭୋଟର। ପ୍ରମୁଖ ପ୍ରାର୍ଥୀଙ୍କ ମଧ୍ୟରେ ଅଛନ୍ତି ନ୍ୟାଶନାଲ କନ୍‌ଫରେନ୍ସ (ଏନ୍‌ସି) ଅଧ୍ୟକ୍ଷ ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ଫାରୁକ୍ ଅବଦୁଲା, ପିଡିପି ପ୍ରାର୍ଥୀ ଆଗା ସୟେଦ୍ ମୋହସିନ।

## ଦେଶକୁ ବିଭାଜନ ହେବାକୁ ଦିଆଯିବନି

କଠୁଆ,୧୪।୪(ପି.ଟି.)

**କଠୁଆରେ ପ୍ରଧାନମନ୍ତ୍ରୀଙ୍କ ନିର୍ବାଚନୀ ସଭା**

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଜମ୍ମୁ-କଶ୍ମୀରର କଠୁଆରେ ରବିବାର ଏକ ନିର୍ବାଚନୀ ସଭାରେ ଯୋଗଦେଇ ଅବଦୁଲ୍ଲା ଏବଂ ମୁଫ୍‌ତି ପରିବାରକୁ କଡ଼ା ସମାଲୋଚନା କରିଛନ୍ତି। ଏହି ଦୁଇ ପରିବାର ରାଜ୍ୟକୁ ତିନି ପିଢ଼ି ଧରି କବ୍‌ଜା କରି ରଖିଛି। ଭାରତକୁ ବିଭାଜନ ହେବାକୁ ଦିଆଯିବନି ବୋଲି ପ୍ରଧାନମନ୍ତ୍ରୀ କହିଛନ୍ତି। କିଛି ମୁଷ୍ଟିମେୟ ଲୋକଙ୍କ ହାତରେ ଜମ୍ମୁ-କଶ୍ମୀରବାସୀଙ୍କୁ ବନ୍ଧକ କିମ୍ବା ଗୋଟି ଶ୍ରମିକ କରି ରଖାଯାଇପାରିବ ନାହିଁ ସତର୍କ କରିଦେଇଛନ୍ତି। ନ୍ୟାଶନାଲ କନ୍‌ଫରେନ୍ସ (ଏନ୍‌ସି) ନେତା ଓମାର ଅବଦୁଲ୍ଲା ଜମ୍ମୁ-କଶ୍ମୀର ପାଇଁ ଅଲଗା ପ୍ରଧାନମନ୍ତ୍ରୀ ଦାବି କରୁଥିବାବେଳେ ଧାରା ୩୭୦ ଉଚ୍ଛେଦ ହେଲେ ଭାରତରୁ ଉକ୍ତ ରାଜ୍ୟ ଅଲଗା ହୋଇଯାଇପାରେ ବୋଲି ପିଡିପି ନେତ୍ରୀ ମେହବୁବା ମୁଫ୍‌ତି କହିଥିବାରୁ ସେମାନଙ୍କୁ ଲକ୍ଷ୍ୟ କରି ପ୍ରଧାନମନ୍ତ୍ରୀ ଏଭଳି ମନ୍ତବ୍ୟ ଦେଇଛନ୍ତି। ରାଜ୍ୟର ଉନ୍ନତ ଭବିଷ୍ୟତ ପାଇଁ ଭୋଟ ମାଧ୍ୟମରେ ଅବଦୁଲ୍ଲା ଓ ମୁଫ୍‌ତି ପରିବାରକୁ କ୍ଷମତାଠାରୁ ଦୂରେଇ ରଖିବାପୁ ପ୍ରଧାନମନ୍ତ୍ରୀ ଆହ୍ୱାନ ଦେଇଛନ୍ତି। ଉଧାମପୁର ଲୋକ ସଭା ଆସନରୁ ପ୍ରାର୍ଥୀ ହୋଇଥିବା କେନ୍ଦ୍ରମନ୍ତ୍ରୀ ଜିତେନ୍ଦ୍ର ସିଂଙ୍କ ପାଇଁ ପ୍ରଚାରରେ ଯାଇଥିବା ପ୍ରଧାନମନ୍ତ୍ରୀ କହିଥିଲେ, ପ୍ରଥମ ପର୍ଯ୍ୟାୟ ନିର୍ବାଚନରେ ଜମ୍ମୁ-କଶ୍ମୀର ଜନସାଧାରଣ ବହୁସଂଖ୍ୟାରେ ମତଦାନ କରି ଆତଙ୍କବାଦୀ ନେତା, ସୁବିଧାବାଦୀଙ୍କୁ ଅଡୁଆରେ ପକାଇଥିବାବେଳେ ମହାଅପମିଶ୍ରିତ ମେଣ୍ଟକୁ ନିରୁତ୍ସାହିତ କରିବା ସହ ଗଣତନ୍ତ୍ରର ଶକ୍ତିକୁ ପ୍ରମାଣିତ କରିଛନ୍ତି।

## [ଇତିହାସର ଆଇନାରେ]
### ଏପ୍ରିଲ ୧୫ର ପ୍ରମୁଖ ଘଟଣା


### ଇନ୍‌ସୁଲିନ୍ ଉପଲବ୍ଧ ହେଲା

୧୯୨୩ ଏପ୍ରିଲ ୧୫ରେ ଡାଇବେଟିସ ରୋଗୀଙ୍କ ନିମନ୍ତେ ଇନ୍‌ସୁଲିନ୍ ଉପଲବ୍ଧତା ସହଜ ହେଲା। ଲାଟିନ୍ ନାମ ଇନ୍‌ସୁଲା ଅନୁସାରେ ଇନ୍‌ସୁଲିନ୍ ନାମକରଣ ହୋଇଛି। ଉକ୍ତ ପେପଟାଇଡ୍ ହରମୋନ୍ ପାନକ୍ରିୟାଟିକ୍ କୋଷିକାରୁ ଝରିଥାଏ। ଏହାକୁ ଶରୀରର ମୁଖ୍ୟ ଆନାବୋଲିକ ହରମୋନ୍ ଭାବେ ବିବେଚନା କରାଯାଏ। ଏହା ଶରୀରର ଶ୍ୱେତସାର, ସ୍ନେହସାର ଏବଂ ପୁଷ୍ଟିସାର ମାତ୍ରାକୁ ନିୟନ୍ତ୍ରଣ କରିଥାଏ।

### ବାଗଦାଦ୍‌ରେ ବିସ୍ଫୋରଣ

୨୦୧୩ ଏପ୍ରିଲ ୧୫ରେ ବାଗଦାଦ୍‌ରେ ବୋମା ବିସ୍ଫୋରଣ ଯୋଗୁ ଅନ୍ୟୂନ ୭୫ ଲୋକଙ୍କ ମୃତ୍ୟୁ ଘଟିବା ସହିତ ୩୫୬ ଜଣ ଆହତ ହୋଇଥିଲେ। ଏପ୍ରିଲ ୨୦ରେ ପ୍ରାଦେଶିକ ନିର୍ବାଚନ ହେବାକୁ ଥିବାବେଳେ ଏହାର ୫ ଦିନ ପୂର୍ବରୁ ବିସ୍ଫୋରଣ ହୋଇଥିଲା।

## ସର୍ବବୃହତ୍ ବିମାନର ପରୀକ୍ଷାମୂଳକ ଉଡାଣ



ୱାଶିଂଟନ୍,୧୪।୪(ଏଏଫ୍‌ପି)

କାଲିଫର୍ନିଆରେ ବିଶ୍ୱର ସର୍ବବୃହତ୍ ବିମାନର ପ୍ରଥମ ପରୀକ୍ଷାମୂଳକ ଉଡାଣ ସଫଳତାର ସହ ସମ୍ପନ୍ନ ହୋଇଛି। ଦୁଇ ଫ୍ୟୁଜଲେଗ୍‌ସ ବିଶିଷ୍ଟ ଏହି ବିମାନରେ ୬ଟି ବୋଇଂ ୭୪୭ ଇଞ୍ଜିନ ସଂଲଗ୍ନ ହୋଇଛି। ଏହି ବିମାନ ଶନିବାର ମୋଜାଭେ ମରୁଭୂମି ଉପରେ ଉଡାଣ କରିଥିଲା। ଉକ୍ତ ବିମାନର ଡିଜାଇନ୍ ଏପରି ପ୍ରସ୍ତୁତ କରାଯାଇଛି ଯେ, ଏହା ମହାକାଶରେ ରକେଟ ବହନ କରିବା ସହିତ ଉତ୍‌କ୍ଷେପଣ କରିପାରିବ। ଯଦ୍ୱାରା ଆକାଶରୁ ଆକାଶକୁ ଉପଗ୍ରହ ଲଞ୍ଚ୍ କରିବା ସମ୍ଭବ ହୋଇପାରିବ। ଉକ୍ତ ବିମାନର ଡେଣା ଏକ ଫୁଟବଲ୍ ପଡିଆର ଲମ୍ବଠାରୁ ଅଧିକ ଅଥବା ଏୟାରବସ୍ ଏ୩୮୦ର ୧.୫ଗୁଣ ସହିତ ସମାନ। ସାଧାରଣତଃ ଏୟାରବସ୍ ଏ୩୮୦ ଡେଣାର ଲମ୍ବ ପାଖାପାଖି ୮୦ମିଟର ହୋଇଥିବା ବେଳେ ଉକ୍ତ ବିମାନର ଡେଣାର ଦୈର୍ଘ୍ୟ ୧୧୭ ମିଟର। ବିମାନଟି ପାଖାପାଖି ଅଢ଼େଇ ଘଣ୍ଟା ଉଡାଣ କରିଥିଲା । ଏହାର ଗତି ପ୍ରତି ଘଣ୍ଟାରେ ୩୦୪ କିଲୋମିଟର। ଏହା ୧୭,୦୦୦ ଫୁଟ ଉଚ୍ଚତାରେ ଉଡିପାରିଥିଲା। ବିମାନ ନିର୍ମାଣ ପାଇଁ ମାଇକ୍ରୋସଫ୍ଟର ସହ-ପ୍ରତିଷ୍ଠାତା ପଲ୍ ଆଲେନ୍ ଆର୍ଥିକ ସହାୟତା ପ୍ରଦାନ କରିଥିଲେ।

## ନେପାଳରେ ବିମାନ ଦୁର୍ଘଟଣା: ୩ ମୃତ

କାଠମାଣ୍ଡୁ,୧୪।୪(ପି.ଟି.)

ନେପାଳ ଇଭରେଷ୍ଟ ଅଞ୍ଚଳରେ ରବିବାର ଏକ କ୍ଷୁଦ୍ର ଯାତ୍ରୀବାହୀ ବିମାନ ଦୁର୍ଘଟଣାଗ୍ରସ୍ତ ହେବାରୁ ପାଇଲଟ ଏବଂ ଦୁଇଜଣ ପୋଲିସ କର୍ମଚାରୀଙ୍କ ମୃତ୍ୟୁ ଘଟିଛି। ଲୁକ୍‌ଲା ବିମାନ ବନ୍ଦରରେ ବିମାନଟି ରନୱେରୁ ବାହାରିଯାଇ ସେଠାରେ ଛିଡାହୋଇଥିବା ଦୁଇଟି ହେଲିକପ୍ଟରକୁ ଧକ୍କା ଦେଇଥିଲା। ଘଟଣାସ୍ଥଳରେ ବିମାନର କୋ-ପାଇଲଟ ଏସ. ଧଙ୍ଗାନା ଏବଂ ହେଲିପ୍ୟାଡରେ ଥିବା ପୋଲିସ ଏଏସ୍‌ଆଇ ରାମବାହାଦୁର ଖଡକାଙ୍କର ମୃତ୍ୟୁ ଘଟିଥିଲା। ଗୁରୁତର ଆହତ ଏଏସ୍‌ଆଇ ରୁଦ୍ରବାହାଦୁର ଶ୍ରେଷ୍ଠଙ୍କୁ କାଠମାଣ୍ଡୁସ୍ଥିତ ଗ୍ରାଣ୍ଡ ହସ୍ପିଟାଲ ନିଆଯାଇଥିବାବେଳେ ସେଠାରେ ତାଙ୍କର ମୃତ୍ୟୁ ଘଟିଛି।

## ହେମାଙ୍କ ପାଇଁ ପ୍ରଚାର କରୁଛନ୍ତି ଧର୍ମେନ୍ଦ୍ର

**ମଥୁରା:** ବଲିଉଡ୍ ଅଭିନେତ୍ରୀ ତଥା ଭାଜପାରୁ ମଥୁରା ଲୋକ ସଭା ଆସନ ପାଇଁ ପ୍ରତିଦ୍ୱନ୍ଦ୍ୱିତା କରୁଥିବା ହେମାମାଳିନୀଙ୍କ ଲାଗି ନିର୍ବାଚନୀ ପ୍ରଚାର କରୁଛନ୍ତି ତାଙ୍କ ସ୍ୱାମୀ ତଥା ବିଶିଷ୍ଟ ଅଭିନେତା ଧର୍ମେନ୍ଦ୍ର। ରବିବାର ହେମାମାଳିନୀଙ୍କ ନିର୍ବାଚନମଣ୍ଡଳୀରେ ଧର୍ମେନ୍ଦ୍ରଙ୍କ ଭୋଟ ପ୍ରଚାର ଜନସାଧାରଣଙ୍କ ଆକର୍ଷଣର କେନ୍ଦ୍ରବିନ୍ଦୁ ସାଜିଥିଲା। ଏ ସମ୍ପର୍କରେ ହେମାମାଳିନୀ ଖୁବ୍ ଖୁସି ଥିବା ପ୍ରକାଶ କରିଛନ୍ତି। ତାଙ୍କ ପାଇଁ ଧର୍ମେନ୍ଦ୍ର ଦିନତମାମ ପ୍ରଚାର କରିଥିଲେ। ସେ ଯେଉଁଠାକୁ ଯାଉଥିଲେ, ଲୋକମାନେ ତାଙ୍କୁ ଆଗ୍ରହର ସହିତ ଅପେକ୍ଷା କରି ରହୁଥିଲେ। ଉକ୍ତ ଦମ୍ପତିଙ୍କ ସହାସ୍ୟ ବଦନର ଫଟୋକୁ ହେମା ଟୁଇଟ୍ କରିଛନ୍ତି। ତେବେ ଏହି ଫଟୋ ପ୍ରଚାରକୁ ଆସିବାର ଠିକ୍ ପୂର୍ବରୁ ଘରେ ଉଠାଯାଇଥିବା ହେମା କହିଛନ୍ତି।

ଉକ୍ତ ଅଭିନେତ୍ରୀଙ୍କ ନିର୍ବାଚନୀ ପ୍ରଚାର ଫଟୋ ଜନସାଧାରଣରେ କୌତୂହଳ ସୃଷ୍ଟି କରିବା ସହିତ ପ୍ରଚୁର ଜନସମର୍ଥନ ହାସଲ କରୁଥିବା ସୋସିଆଲ ମିଡିଆରୁ ସୂଚନା ମିଳିଛି।

କିଛିଦିନ ତଳେ ଉତ୍ତରପ୍ରଦେଶର ଏକ ଗହମ କ୍ଷେତରେ ତାଙ୍କର ନୂଆ ଅବତାର ଜନସାଧାରଣଙ୍କ ଦୃଷ୍ଟି ଆକର୍ଷଣ କରିଥିଲା। ସେ ତାଙ୍କ ନିର୍ବାଚନମଣ୍ଡଳୀରେ ଚାଷୀଙ୍କ ସାଥିରେ ଗହମ ଗଛ କାଟି ବିଡା ଧରିଥିବାର ଦୃଶ୍ୟ ଦେଖି ବିରୋଧୀ ଦଳ ସମାଲୋଚନା କରିଥିଲେ। ଏଥିପାଇଁ 'ଡ୍ରିମ୍ ଗର୍ଲ' ଭାବେ ପୂର୍ବରୁ ପରିଚିତ ଥିବା ହେମାଙ୍କ ନାମ ସହିତ ପୁନଶ୍ଚ 'ଡ୍ରାମା ଗର୍ଲ' ଯୋଡି ହୋଇଯାଇଛି।



ଧରିତ୍ରୀ
DHARITRI
ଭୁବନେଶ୍ୱର, ସୋମବାର, ଏପ୍ରିଲ ୧୫/୨୦୧୯ | Bhubaneswar, Monday, April 15/2019 | ପୃଷ୍ଠା-୧



**ଅନୁଭୂତି ବଖାଣିଲେ ସୋନାଲି**
ବଲିଉଡ୍ ଅଭିନେତ୍ରୀ ସୋନାଲି ବେନ୍ଦ୍ରେ ମୁମ୍ବାଇଠାରେ ଅନୁଷ୍ଠିତ ୫ମ 'କାହୋକନ୍-୨୦୧୯' ଅନ୍ତର୍ଜାତୀୟ ସମ୍ମିଳନୀରେ ନିଜ ଅନୁଭୂତି ବଖାଣିଛନ୍ତି। ୦୨

୧୩ **ହାମିଲଟନଙ୍କୁ ଟାଇଟଲ**
ମର୍ସିଡିଜର ଲୁଇସ୍ ହାମିଲଟନ ଚାଇନିଜ ଫର୍ମୁଲା ୱାନ ଗ୍ରାଁପ୍ରି ଟାଇଟଲ ହାସଲ କରିଛନ୍ତି।



ବିଜେପି
ଫିର୍ ଏକ୍ ବାର୍ ମୋଦି ସରକାର
ବିକାଶ ବିରୋଧୀ ବିଜେଡି ସରକାର
କୋଟି କୋଟି ଟଙ୍କାର ଯୋଜନା ଆଣିଲା ମୋଦି ସରକାର କିନ୍ତୁ ବାଧକ ସାଜିଲା ରାଜ୍ୟ ସରକାର
ସମ୍ବେଦନହୀନ କୁଚକ୍ରୀ ବିଜେଡି ସରକାର ମୋଦିଙ୍କ ଆୟୁଷ୍ମାନ ଭାରତ ଯୋଜନା ଲାଗୁ ନ କରିବାରୁ ଓଡ଼ିଆ ଲୋକେ ୫ ଲକ୍ଷ ଟଙ୍କାର ଚିକିତ୍ସାସୁବିଧା ପାଉ ନାହାନ୍ତି ।
ବାହାର ରାଜ୍ୟରେ କାମଧନ୍ଦା କରି ଚଳୁଥିବା ଲୋକମାନେ ସବୁଠୁ ପ୍ରଭାବିତ।


ନୂଆ ଆଶା, ପୂରା ଭରସା, ମୋଦିଙ୍କ ସାଥେ ନୂଆ ଓଡ଼ିଶା
Issued by BJP, 4R-3/2, Kharavel Nagar, Unit-3, Bhubaneswar
ଏମ୍‌ପି ଏବଂ ଏମ୍‌ଏଲ୍‌ଏ ପାଇଁ ପଦ୍ମଫୁଲ ଚିହ୍ନରେ ଦୁଇଥର ଭୋଟ୍ ଦିଅନ୍ତୁ


## ■ ସବୁ ଦଳର ଇସ୍ତାହାରରେ 'ଚାଷୀ'
# ସ୍ୱାର୍ଥ ଲାଗି ଭୋଟ ଅମଳ ଯୋଜନା

ଭୁବନେଶ୍ୱର,୧୪।୪(ବ୍ୟୁରୋ)

କୃଷିପ୍ରଧାନ ରାଜ୍ୟ ଓଡ଼ିଶା। ଏଠାରେ ଚାଷୀ ପରିବାର ସଂଖ୍ୟା ୭୦ଲକ୍ଷରୁ ଊର୍ଦ୍ଧ୍ୱ। ସେମାନଙ୍କ ଭୋଟ ସଂଖ୍ୟା ପାଖାପାଖି ୨କୋଟି। ତେଣୁ ଏହି ବର୍ଗର ଭୋଟ ଉପରେ ଏବେ ସବୁ ଦଳର ଆଖି। ଦୀର୍ଘକାଳ ଅବହେଳିତ ଅବସ୍ଥାରେ ରହି ଆସିଥିବା ଚାଷୀଙ୍କ ଉନ୍ନତି ପାଇଁ ଏବେ ପ୍ରତ୍ୟେକ ଦଳ ସେମାନଙ୍କ ଇସ୍ତାହାରରେ ବିଭିନ୍ନ ପ୍ରକାର ଲୋଭନୀୟ ପ୍ରତିଶ୍ରୁତି ଦେବାରେ ବ୍ୟସ୍ତ ଅଛନ୍ତି। ତେବେ ଏସବୁ ପ୍ରତିଶ୍ରୁତିରୁ କେଉଁ ଦଳକୁ କେତେ ଫାଇଦା ମିଳିବ ତାହା ଭୋଟ ଗଣନା ପରେ ଜଣାପଡ଼ିବ ବୋଲି ରାଜନୈତିକ ସମୀକ୍ଷକମାନେ ମତ ପ୍ରକାଶ କରୁଛନ୍ତି।

ରାଜ୍ୟରେ ଦୁଇଦଶନ୍ଧି ଧରି କ୍ଷମତାରେ ଥିବା ବିଜେଡି ପୁଣିଥରେ ନିର୍ବାଚନ ବୈତରଣୀ ପାରହେବାକୁ ଦଳର ଇସ୍ତାହାରରେ ରାଜ୍ୟର ଚାଷୀଙ୍କୁ ଅନେକ ପୁରୁଣା ପ୍ରତିଶ୍ରୁତି ଦେଇଛି। ଅସନ୍ତୁଷ୍ଟ କୃଷକଙ୍କୁ ସନ୍ତୁଷ୍ଟ କରିବା ପାଇଁ ରାଜ୍ୟ ସରକାର ଆରମ୍ଭ କରିଥିବା କାଳିଆ ଯୋଜନାର ଲକ୍ଷ୍ୟ ସାଧିତ ହେଉ







ନ ଥିବା ଅନୁମାନ କରି ବିଜେଡି ଏହାର ଇସ୍ତାହାରରେ କାଳିଆ ସହାୟତା ଅର୍ଥରାଶି ସଂଶୋଧନ କରିବାକୁ ପ୍ରତିଶ୍ରୁତି ଦେଇଛି। କାଳିଆ ସହାୟତା କେବଳ ୫ଟି ଚାଷ ଋତୁ ପାଇଁ ୫ହଜାର ଟଙ୍କା ଲେଖାଏ ମିଳିବ ବୋଲି ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ପ୍ରଥମେ ଘୋଷଣା କରିଥିଲେ। ସରକାରଙ୍କ ଉକ୍ତ ସହାୟତା ସମସ୍ତଙ୍କ ପାଇଁ ସମାନ ରହିଛି। ଅର୍ଥାତ୍ ଯାହାର ୨୦ଏକର ଚାଷ ସେ ଯେତିକି ସହାୟତା ପାଇବ ଯାହାର ୨ଏକର ଚାଷ ସେ ବି ସେତିକି ସହାୟତା ପାଇବ। କିନ୍ତୁ ତେଲେଙ୍ଗାନା ସରକାରଙ୍କ ରଇତ ବନ୍ଧୁ ଯୋଜନାରେ ପ୍ରତ୍ୟେକ ଚାଷୀଙ୍କୁ ହେକ୍ଟର ପିଛା ୧୦ହଜାର ଟଙ୍କାର ସହାୟତା ଦିଆଯାଉଛି। ତେଣୁ କାଳିଆ ଯୋଜନା ନେଇ ବହୁ ଚାଷୀଙ୍କ ମଧ୍ୟରେ ଅସନ୍ତୋଷ ବୃଦ୍ଧି ପାଇଛି। ସେଥିପାଇଁ ବିଜେଡି ଏବେ ଇସ୍ତାହାରରେ ତିନି ବର୍ଷ ପରେ ମଧ୍ୟ କାଳିଆ ଯୋଜନା ଅବ୍ୟାହତ ରହିବ ଓ ସହାୟତା ରାଶି ସଂଶୋଧନ କରିବାକୁ କମିଟି ବସିବ ବୋଲି ଉଲ୍ଲେଖ କରିଛି। ଏବେ କାଳିଆ କାର୍ଯ୍ୟକାରିତା ପାଇଁ ଏକ କମିଶନ ଗଠନ କରାଯିବ ବୋଲି ଘୋଷଣା କରାଯାଇଛି। ଏହି ଯୋଜନାରେ ୫୦ହଜାର ଟଙ୍କାର ଋଣ ପର୍ଯ୍ୟନ୍ତ ସୁଧଛାଡ଼ କଥା ମାସକ ତଳେ ଘୋଷଣା କରାଯାଇଥିଲେ ସୁଦ୍ଧା ଏବେ ଏହାକୁ ୧ଲକ୍ଷ ଟଙ୍କା ପର୍ଯ୍ୟନ୍ତ ବୃଦ୍ଧି କରିବାକୁ ପ୍ରତିଶ୍ରୁତି ଦିଆଯାଇଛି। ସେହିପରି ବିଜେଡି ସଭାପତି ନବୀନ ପଟ୍ଟନାୟକଙ୍କ ଘୋଷଣା ଅନୁସାରେ ଯଦି ତାଙ୍କ ଦଳ ପୁଣି ସରକାର ଗଠନ କରେ ତେବେ ସରକାର ଗଠନର ପ୍ରଥମ ଦିନ କାଳିଆର ସମସ୍ତ ହିତାଧିକାରୀଙ୍କୁ ସବୁ ବକେୟା ଟଙ୍କା ପ୍ରଦାନ କରାଯିବ। ସରକାରଙ୍କ ତରବରିଆ ନିଷ୍ପତ୍ତି ଯୋଗୁ କାଳିଆ ସହାୟତା ଏଯାଏ ଅଧିକାଂଶ ଚାଷୀ ପାଇନାହାନ୍ତି। ପ୍ରତ୍ୟେକ ଗାଁର ମାତ୍ର ୫ ରୁ ୧୦ ପ୍ରତିଶତ ହିତାଧିକାରୀ ଚାଷୀଙ୍କ ଆକାଉଣ୍ଟକୁ କାଳିଆ ସହାୟତା ଯାଇଥିବାବେଳେ ବାକି ହିତାଧିକାରୀମାନେ ଟଙ୍କା ନ ପାଇ କ୍ଷୁବ୍ଧ ଅବସ୍ଥାରେ ଅଛନ୍ତି। ଏହା ବୁଝିବାପରେ ନବୀନ ପଟ୍ଟନାୟକ ପଞ୍ଚମ ପାଳି ସରକାରର ପ୍ରଥମ ଦିନ ଟଙ୍କା ପଠେଇବା କଥା କହିଛନ୍ତି। ବିଜେଡି ସରକାର ଜଳସେଚନ କ୍ଷେତ୍ରରେ ଦେଇଥିବା ପ୍ରତିଶ୍ରୁତି ପୂରଣ କରିପାରି ନ ଥିବାରୁ ଏଥର ସରକାରକୁ ଆସିଲେ ୫୦ହଜାର କୋଟି ଟଙ୍କା ବ୍ୟୟରେ ଜଳସେଚନ ସୁବିଧା କରିବାକୁ ମଧ୍ୟ ପ୍ରତିଶ୍ରୁତି ଦେଇଛି।

ଓଡ଼ିଶାରେ କେବେବି ଏକକ ଦଳଭାବେ ସରକାର ଗଠନ କରିବାର ସୁଯୋଗ ପାଇ ନ ଥିବା ଭାରତୀୟ ଜନତା ପାର୍ଟି(ଭାଜପା) ମଧ୍ୟ ରାଜ୍ୟର ଚାଷୀମାନଙ୍କ ପାଇଁ ଅନେକ ଲୋଭନୀୟ ଯୋଜନା ☞ପୃଷ୍ଠା-୨

## ■ ପ୍ରଧାନମନ୍ତ୍ରୀଙ୍କ ହେଲିକପ୍ଟରରେ କଳା ଟ୍ରଙ୍କ୍
# ତଦନ୍ତ ଦାବି କଲା କଂଗ୍ରେସ



ନୂଆଦିଲ୍ଲୀ,୧୪।୪(ପି.ଟି.)

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ କର୍ଣ୍ଣାଟକର ଚିତ୍ରଦୁର୍ଗ ଗସ୍ତ ସମୟରେ ତାଙ୍କ ହେଲିକପ୍ଟରରୁ ରହସ୍ୟମୟ କଳା ଟ୍ରଙ୍କ ବାହାରିବା ଘଟଣା ଏବେ ଅଡୁଆ ପରିସ୍ଥିତି ସୃଷ୍ଟି କରିଛି। ପ୍ରଧାନମନ୍ତ୍ରୀ ଗତ ଶୁକ୍ରବାର ଚିତ୍ରଦୁର୍ଗକୁ ନିର୍ବାଚନ ପ୍ରଚାରରେ ଯାଇଥିଲେ। ତାଙ୍କ ହେଲିକପ୍ଟରରେ ଏକ କଳା ଟ୍ରଙ୍କ୍ ଥିବାରୁ ଏହାକୁ ନେଇ କଂଗ୍ରେସ ସନ୍ଦେହ ପ୍ରକଟ କରିବା ସହ ଏହାର ପୁଙ୍ଖାନୁପୁଙ୍ଖ ତଦନ୍ତ ଦାବି କରିଛି। ଏହି ପ୍ରସଙ୍ଗରେ ପ୍ରଧାନମନ୍ତ୍ରୀ ନିଜକୁ ସ୍ୱଚ୍ଛ ପ୍ରମାଣିତ କରିବାକୁ କଂଗ୍ରେସ ମୁଖପାତ୍ର ଆନନ୍ଦ ଶର୍ମା ରବିବାର ଆହ୍ୱାନ ଦେଇଛନ୍ତି। ନିର୍ବାଚନ କମିଶନ ଏହାର ଅନୁଧ୍ୟାନ କରିବା ଆବଶ୍ୟକ ବୋଲି ସେ କହିଛନ୍ତି। ଏନେଇ କର୍ଣ୍ଣାଟକ ରାଜ୍ୟ କଂଗ୍ରେସ ପକ୍ଷରୁ ଇସିଙ୍କ ନିକଟରେ ଅଭିଯୋଗ ଦାଏର ହୋଇଛି।

ମୋଦିଙ୍କ ହେଲିକପ୍ଟର ଚିତ୍ରଦୁର୍ଗଠାରେ ଅବତରଣ କରିବା ପରେ ଦୁଇ ଜଣ ଲୋକ ଟ୍ରଙ୍କକୁ ହେଲିକପ୍ଟରରୁ ବାହାର କରି ଏକ ଧଳାରଙ୍ଗର କାର ପାଖକୁ ନେଇଯାଉଥିବା ଭିଡିଓରେ ଦେଖିବାକୁ ମିଳିଛି। କର୍ଣ୍ଣାଟକ ପ୍ରଦେଶ କଂଗ୍ରେସ ସଭାପତି ଦିନେଶ ଗୁଣ୍ଡୁ ରାଓ ଉକ୍ତ ଭିଡିଓକୁ ଟୁଇଟ୍ କରିଛନ୍ତି। ତେବେ ଏହି ଟ୍ରଙ୍କ ପ୍ରଧାନମନ୍ତ୍ରୀଙ୍କ ହେଲିକପ୍ଟରରୁ କିମ୍ବା ଅନ୍ୟ ହେଲିକପ୍ଟରରୁ ନିଆଯାଇଛି ତାହା ଭିଡିଓରୁ ସ୍ପଷ୍ଟ ହୋଇନାହିଁ। ☞ପୃଷ୍ଠା-୨

**ଆଜିର ସମ୍ପାଦକୀୟ**

ତତଲା ତାଓ୍ବା

**ଆଜିର ମନ୍ତବ୍ୟ**

"ବାବାସାହେବଙ୍କ ସମ୍ବିଧାନର ଶକ୍ତି ଅବହେଳିତ ଶ୍ରେଣୀରୁ ଆସିଥିବା ବ୍ୟକ୍ତିଙ୍କୁ ରାଷ୍ଟ୍ରପତି ଓ ଜଣେ ଚା'ବାଲାଙ୍କୁ ପ୍ରଧାନମନ୍ତ୍ରୀ କରାଇଛି।

-ନରେନ୍ଦ୍ର ମୋଦି, ପ୍ରଧାନମନ୍ତ୍ରୀ

**କିଛି ତଥ୍ୟ**

ଚଳିତ ମାସ ୧୪ ତାରିଖ ପର୍ଯ୍ୟନ୍ତ ବିଦେଶୀ ନିବେଶକମାନେ ଦେଶର ପୁଞ୍ଜି ବଜାରରେ ୧୧,୦୯୬ କୋଟି ଟଙ୍କା ନିବେଶ କରିଛନ୍ତି।

- ଶେୟାର ବଜାର ଡିପୋଜିଟୋରୀ ଡାଟା

# ୫ ବର୍ଷର ଶିଶୁକନ୍ୟାକୁ ବଳାତ୍କାର ଅଭିଯୋଗ

ବୁଗୁଡ଼ା,୧୪।୪(ଡି.ଏନ.ଏ.)

ଗଞ୍ଜାମ ଜିଲା ବୁଗୁଡ଼ା ଥାନା ଅଞ୍ଚଳରେ ଜଣେ ୫ ବର୍ଷର ଶିଶୁକନ୍ୟାକୁ ବଳାତ୍କାର ହୋଇଥିବା ନେଇ ଶନିବାର ରାତିରେ ବୁଗୁଡ଼ା ଥାନାରେ ଅଭିଯୋଗ ହୋଇଛି। ଶିଶୁକନ୍ୟାଙ୍କ ମା'ଙ୍କ ଅଭିଯୋଗକୁ ଭିତ୍ତିକରି ପୋଲିସ ନଂ. ୬୯/୧୯ରେ ଏକ ମାମଲା ରୁଜୁ କରିଛି।

ପ୍ରକାଶ ଯେ, ବୁଗୁଡ଼ା ଥାନାଞ୍ଚଳରେ ଗୁରୁବାର ସନ୍ଧ୍ୟାରେ ଜନୈକ ବିବାହିତ ଯୁବକ ଜଗଦୀଶ ସାହୁ ତାଙ୍କ ସାହିରେ ଥିବା ଜଣେ ଶିଶୁ କନ୍ୟାକୁ ବିଭିନ୍ନ ପ୍ରକାର ପ୍ରଲୋଭନ ଦେଖାଇ ନିଜ ଘରକୁ ଡାକି ନେଇଥିଲେ। ଘରେ କେହି ନ ଥିବାର ସୁଯୋଗ ନେଇ ଜଗଦିଶ ଶିଶୁକନ୍ୟାକୁ ବଳାତ୍କାର କରି ଘଟଣାସ୍ଥଳରୁ ଫେରାର୍ ହୋଇଯାଇଛନ୍ତି। ପରେ ଶିଶୁକନ୍ୟା ଜଣକ ଘରକୁ ଆସି ଘଟଣା ସମ୍ପର୍କରେ ବାପା, ମା'ଙ୍କୁ କହିଥିଲା। ତେବେ ଏହି ଘଟଣାକୁ ଗାଁରେ ରଫାଦଫା କରିବା ପାଇଁ ବିଭିନ୍ନ ଉଦ୍ୟମ ଚାଲିଥିଲା। କିନ୍ତୁ ଏ ନେଇ ଶନିବାର ରାତିରେ ଶିଶୁକନ୍ୟାଙ୍କ ମା' ବୁଗୁଡ଼ା ଥାନାରେ ଅଭିଯୋଗ କରିଥିଲେ। ଅଭିଯୋଗ ପାଇ ପୋଲିସ ବୁଗୁଡ଼ା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ପୀଡ଼ିତାଙ୍କ ଡାକ୍ତରୀ ମାଇନା କରିଥିବା ବେଳେ ଘଟଣାର ତଦନ୍ତ ଚଳାଇଛି। ଅନ୍ୟପଟେ ଫେରାର୍ ଥିବା ଅଭିଯୁକ୍ତ ଜଗଦିଶଙ୍କୁ ଶୀଘ୍ର ଗିରଫ କରାଯିବ ବୋଲି ପୋଲିସ କହିଛି।

**ଅସମ୍ଭାଳ ହେଲାଣି ତାତି**
# ୪୩.୫ ଡିଗ୍ରୀରେ ଟିଟିଲାଗଡ଼

ଭୁବନେଶ୍ୱର,୧୪।୪(ବ୍ୟୁରୋ)

ସାରା ରାଜ୍ୟରେ ଗ୍ରୀଷ୍ମ ପ୍ରବାହ ଜାରି ରହିଛି। ସକାଳ ୮ଟାରୁ ଖରାର ପ୍ରକୋପ ଧୀରେ ଧୀରେ ବୃଦ୍ଧି ପାଇ ପୂର୍ବାହ୍ନ ୧୧ଟା ପରେ ତାତି ଅସମ୍ଭାଳ ହୋଇପଡୁଛି। ଏହି ସମୟରେ ରାସ୍ତାଘାଟ ମଧ୍ୟ ଶୂନ୍‌ଶାନ୍ ହୋଇଯାଉଛି। ପ୍ରବଳ ତାତି ଯୋଗୁ କାଳବୈଶାଖୀ ହେବା ସମ୍ଭାବନା ରହିଛି ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ ସୂଚନା ମିଳିଛି। ରବିବାର ଟିଟିଲାଗଡ଼ରେ ସର୍ବାଧିକ ତାପମାତ୍ରା ୪୩.୫ ଡିଗ୍ରୀ ରେକର୍ଡ ହୋଇଥିବା ବେଳେ ୧୧ ସହରରେ ପାରଦ ୪୦ ଡିଗ୍ରୀ ଉପରେ ରହିଛି। ଅନୁଗୋଳରେ ତାପମାତ୍ରା ୪୨.୭ ଡିଗ୍ରୀ ରହିଥିବା ବେଳେ ବଲାଙ୍ଗୀର ୪୨.୫, ତାଳଚେର ୪୨.୩, ଝାରସୁଗୁଡ଼ା ୪୧.୮,

**■ ୧୧ ସହର ତାପମାତ୍ରା ୪୦ ଡିଗ୍ରୀ ଟପିଲା**



ସୋନପୁର ୪୧.୪, ସମ୍ବଲପୁର ୪୧.୧, ଭବାନୀପାଟଣା ୪୧.୦, ହୀରାକୁଦ ୪୦.୯, ମାଲକାନଗିରି ୪୦.୬ ଓ ଭୁବନେଶ୍ୱରରେ ୪୦.୨ ଡିଗ୍ରୀ ତାପମାତ୍ରା ରେକର୍ଡ ହୋଇଛି। ଆସନ୍ତା ଦୁଇଦିନ ତାପମାତ୍ରାରେ କୌଣସି ପରିବର୍ତ୍ତନ ହେବ ନାହିଁ। ତା'ପରେ ୨ରୁ ୩ଦିନ ତାପମାତ୍ରା ସାମାନ୍ୟ ହ୍ରାସ ପାଇବ। ସୋମବାର ରାଜ୍ୟର ୯ ଜିଲାରେ ସାମାନ୍ୟ ବର୍ଷା ସହ ଘଡ଼ଘଡ଼ି ହେବା ସମ୍ଭାବନା ରହିଛି। କୋରାପୁଟ, ନବରଙ୍ଗପୁର, କନ୍ଧମାଳ, ରାୟଗଡ଼ା, ବଲାଙ୍ଗୀର, ଅନୁଗୋଳ, କେନ୍ଦୁଝର, ବାଲେଶ୍ୱର ଓ ମୟୂରଭଞ୍ଜ ଆଦି ଜିଲାରେ କାଳବୈଶାଖୀ ହେବା ସମ୍ଭାବନା ରହିଛି ବୋଲି ପାଣିପାଗ କେନ୍ଦ୍ର ପୂର୍ବାନୁମାନ କରିଛି। ପ୍ରତିଦିନ କାଳବୈଶାଖୀର ସମ୍ଭାବନା ରହୁଥିବାରୁ ପାଣିପାଗ କେନ୍ଦ୍ର ପକ୍ଷରୁ ରାଜ୍ୟର ବିଭିନ୍ନ ଜିଲାକୁ ସତର୍କ ସୂଚନା ଜାରି କରାଯାଉଛି।

# ସଙ୍ଗୀତ ନିର୍ଦ୍ଦେଶକ ରାଖାଲ ଚନ୍ଦ୍ର ମହାନ୍ତିଙ୍କ ପରଲୋକ



କଟକ ଅଫିସ,୧୪।୪

ବିଶିଷ୍ଟ ସଙ୍ଗୀତ ନିର୍ଦ୍ଦେଶକ ରାଖାଲ ଚନ୍ଦ୍ର ମହାନ୍ତିଙ୍କ ରବିବାର ଅପରାହ୍ନ ୪.୧୫ରେ ବାସଭବନରେ ପରଲୋକ ଘଟିଛି। ସେ କିଛିଦିନ ତଳେ ଅସୁସ୍ଥ ହୋଇପଡ଼ିଥିଲେ। ପରିବାର ଲୋକେ ତାଙ୍କୁ ଚିକିତ୍ସା କରାଇବା ପରେ ମଧ୍ୟ ସେ ଠିକ୍‌ଭାବେ ଚଲାବୁଲା କରିପାରୁ ନ ଥିଲେ। ରାଖାଲଙ୍କ ବିୟୋଗରେ ଓଡ଼ିଶା ସଙ୍ଗୀତ ଜଗତରେ ଶୋକର ଛାୟା ଖେଳିଯାଇଛି। ଅନେକ ବରିଷ୍ଠ ସଙ୍ଗୀତ ନିର୍ଦ୍ଦେଶକ, ସଙ୍ଗୀତ ପ୍ରେମୀ ଓ ସଙ୍ଗୀତ ଦୁନିଆରେ କାର୍ଯ୍ୟ କରୁଥିବା ବ୍ୟକ୍ତି ବାଦାମବାଡ଼ି ସ୍ଥିତ ତାଙ୍କ ବାସଭବନରେ ପହଞ୍ଚି ଶେଷଦର୍ଶନ କରିବା ସହ ଶୋକସନ୍ତପ୍ତ ପରିବାରକୁ ସାନ୍ତ୍ୱନା ଜଣାଇଥିଲେ। ମୃତ୍ୟୁଶଯ୍ୟା ନିକଟରେ ତାଙ୍କ ସ୍ତ୍ରୀ କ୍ଷଣପ୍ରଭା ମହାନ୍ତି, ପୁଅ ସୁହାସ, ସୁବ୍ରତ, ବୋହୂ ଅନିତା, ରଶ୍ମିତା, ଝିଅ ସୁରଭି, ସୁସ୍ମିତାଙ୍କ ସମେତ ପରିବାରବର୍ଗ, ସମ୍ପର୍କୀୟ ଉପସ୍ଥିତ ଥିଲେ। ସୋମବାର ଖାନ୍‌ନଗର ଶ୍ମଶାନରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ ☞ପୃଷ୍ଠା-୨

muthootfinance.com

ଗୋଲ୍ଡ ଲୋନ୍
ସୁଧ ଦର ରେ 5% କ୍ୟାସ୍ ବ୍ୟାକ୍ ଅଫର୍*
1800 313 1212
Muthoot Finance

NECC NATIONAL EGG CO-ORDINATION COMMITTEE
14.04.2019
Vencobb CHICKEN

| Dist | Farm Gate/Kg | With Skin/Kg | Skinless /Kg |
|---|---|---|---|
| BBSR | 89 | 144 | 154 |
| CTC | 89 | 144 | 154 |
| DKL | 89 | 144 | 154 |
| BDK | 92 | 148 | 158 |
| BLS | 94 | 150 | 160 |
| ANG | 89 | 144 | 154 |

*Conditions Apply
Eggs Retail Price- 42/-Dozen
Issued in the Interest of Consumers

# କୀଟନାଶକ ପିଇ ଚାଷୀଙ୍କ ଆତ୍ମହତ୍ୟା

ଧର୍ମଶାଳା/ଚଣ୍ଡିଖୋଲ, ୧୪।୪(ଡି.ଏନ୍.ଏ.)

ଧର୍ମଶାଳା ବ୍ଲକ ଅନ୍ତର୍ଗତ ପଟୁଣିଆ ପଞ୍ଚାୟତ ଡିହନରସିଂହପୁର ଗ୍ରାମରେ ଫସଲହାନି ଓ ଋଣଭାର ସହି ନ ପାରି ଜଣେ ଚାଷୀ କୀଟନାଶକ ପିଇଦେଇଥିଲେ। ରବିବାର ଚିକିତ୍ସାଧୀନ ଅବସ୍ଥାରେ କଟକ ମେଡ଼ିକାଲରେ ତାଙ୍କର ମୃତ୍ୟୁ ହୋଇଥିବା ଜଣାପଡିଛି। ମୃତଚାଷୀ ଜଣଙ୍କ ଡିହନରସିଂହପୁର ଗ୍ରାମର ସୁଶାନ୍ତ ଗନ୍ତାୟତ(୪୨)। ଏହି ଖବର ଜଣାପଡ଼ିବା ପରେ ପଟୁଣିଆ ପଞ୍ଚାୟତରେ ଆଲୋଡ଼ନ ଖେଳି ଯାଇଥିଲା। ମୃତ ସୁଶାନ୍ତଙ୍କ ମୃତଦେହ କଟକରୁ ଫେରିବା ନେଇ ଗ୍ରାମବାସୀ ଅପେକ୍ଷା କରିଥିଲେ।



ଚାଷୀ ମୃତ୍ୟୁକୁ ନେଇ ଗ୍ରାମବାସୀ ରାସ୍ତା ରୋକୋ କରିଛନ୍ତି।

**ମୃତଦେହ ଫେରିବା ବିଳମ୍ବ ନେଇ ରାସ୍ତାରୋକୋ**

ହେଲେ ମୃତଦେହ ଫେରିବାରେ ବିଳମ୍ବ ହେବାରୁ ସ୍ଥାନୀୟଲୋକେ ଉତ୍ତ୍ୟକ୍ତହୋଇ ଚଣ୍ଡିଖୋଲ-ପାରାଦୀପ ଜାତୀୟ ରାଜପଥକୁ କଣ୍ଟିଗଡ଼ିଆଠାରେ ଅବରୋଧ କରିଥିଲେ। ଏହି ରାସ୍ତା ଅବରୋଧ ସନ୍ଧ୍ୟା ୬ଟା ପର୍ଯ୍ୟନ୍ତ ଚାଲିଥିଲା। ଧର୍ମଶାଳା ତହସିଲଦାର ସରୋଜ କୁମାର ପଣ୍ଡା, ଅତିରିକ୍ତ ତହସିଲଦାର ଦେବୀ ପ୍ରସାଦ ମହାନ୍ତି ଓ ଧର୍ମଶାଳା ଥାନା ଅଧିକାରୀ ଘଟଣାସ୍ଥଳରେ ପହଞ୍ଚି ଅବରୋଧକାରୀଙ୍କୁ ବୁଝାଶୁଝା କରିଥିଲେ। ମୃତକଙ୍କ ପରିବାରକୁ କ୍ଷତିପୂରଣ ବାବଦକୁ ରେଡ୍‌କ୍ରସ୍ ପାଣ୍ଠିରୁ ୧୦ ହଜାର ଟଙ୍କା ପ୍ରଦାନ କରିଥିଲେ। ଏଥିସହ ଅନ୍ୟାନ୍ୟ ଆବଶ୍ୟକ ସହାୟତା ପ୍ରଦାନ ପାଇଁ ପ୍ରତିଶ୍ରୁତି ଦେବାପରେ ରାସ୍ତା ☞ପୃଷ୍ଠା-୨

## ଜନ୍ମଦିନର ଶୁଭେଚ୍ଛା

ନାମ: ................................
ବୟସ:................................
ଜନ୍ମ ତାରିଖ: ................................


ଅଂଶ ବାବୁ
ପରିବାରବର୍ଗ


ଅଂଶ ସାହୁ
ପରିବାରବର୍ଗ


ଗୁଡୁ
ପରିବାରବର୍ଗ

ସର୍ତ୍ତାବଳୀ: ଏହି କୁପନ ବ୍ୟବହାର କରି ସମ୍ପୂର୍ଣ୍ଣ ମାଗଣାରେ ଜନ୍ମଦିନର ଶୁଭେଚ୍ଛା ଜଣାନ୍ତୁ। ଫଟୋଗ୍ରାଫ ସହିତ କୁପନଟି ପ୍ରକାଶନ ତାରିଖର ୭ ଦିନ ପୂର୍ବରୁ ଜନ୍ମଦିନ ଶୁଭେଚ୍ଛା, ଧରିତ୍ରୀ, ବି-୨୬, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର-୧୦ ଠିକଣାରେ ପହଞ୍ଚିବା ଆବଶ୍ୟକ।


ପ୍ରଥମ ପୃଷ୍ଠାରୁ...

## ସ୍ୱାର୍ଥ ଲାଗି...

ଘୋଷଣା କରିଛି। ପ୍ରାଇସ, ପ୍ରେଷ୍ଟିଜ ଓ ପେନ୍‌ସନ୍ ଦାବିରେ ଆନ୍ଦୋଳନ ଚଳାଇଥିବା ନବନିର୍ମାଣ କୃଷକ ସଂଗଠନ ଓ ଧାନର ସହାୟକ ମୂଲ୍ୟ (ଏମ୍ଏସ୍‌ପି) ନେଇ ଆନ୍ଦୋଳନରତ ପଶ୍ଚିମ ଓଡ଼ିଶାର ଚାଷୀ ସଂଗଠନଗୁଡ଼ିକ ରାଜ୍ୟ ସରକାରଙ୍କ ଉପରେ ଅସନ୍ତୁଷ୍ଟ ଥିବା ହୃଦ୍‌ବୋଧ କରି ଭାଜପା କ୍ଷମତାକୁ ଆସିଲେ ୨୦୨୨ସୁଦ୍ଧା ସମସ୍ତ ଚାଷୀଙ୍କ ଆୟ ଦୁଇଗୁଣ କରିବାକୁ ପ୍ରତିଶ୍ରୁତି ଦେଇଛି। ୬୦ ବର୍ଷରୁ ଊର୍ଦ୍ଧ୍ୱ କୃଷକଙ୍କୁ ମାସିକ ୩ହଜାର ଟଙ୍କାର ପେନ୍‌ସନ ବ୍ୟବସ୍ଥା କରିବାକୁ ଭାଜପା ଇସ୍ତାହାରରେ ପ୍ରତିଶ୍ରୁତି ଦେବା ସହ ଚାଷ ଋଣ ଉପରୁ ସମ୍ପୂର୍ଣ୍ଣ ସୁଧ ଛାଡ଼ କରିବାକୁ ଘୋଷଣା କରାଯାଇଛି। ପ୍ରଧାନମନ୍ତ୍ରୀ କିଷାନ ସମ୍ମାନ ନିଧି ଯୋଜନାରେ ସମସ୍ତ ଚାଷୀଙ୍କୁ ବାର୍ଷିକ ୬ହଜାର ଟଙ୍କା ଲେଖାଏ ସହାୟତାର ପ୍ରତିଶ୍ରୁତି ସହିତ କୃଷକଙ୍କ ଚାଷଖର୍ଚ୍ଚ କିପରି କମିବ ସେ ବ୍ୟବସ୍ଥା ନିଶ୍ଚିତ କରିବାକୁ ମଧ୍ୟ ଭାଜପା ଇସ୍ତାହାରରେ ପ୍ରତିଶ୍ରୁତି ଦେଇଛି। ସେହିପରି ରାଜ୍ୟରେ ସବୁ ଚାଷଜମିକୁ ସବୁଦିନିଆ ଜଳସେଚନ ସୁବିଧା ଯୋଗାଇ ଦେବାକୁ ୧ଲକ୍ଷ କୋଟି ଟଙ୍କାର ଏକ ଯୋଜନା ହାତକୁ ନିଆଯିବ ବୋଲି ମଧ୍ୟ ଭାଜପା ପ୍ରତିଶ୍ରୁତି ଦେଇଛି।

ସେହିପରି କଂଗ୍ରେସ ମଧ୍ୟ ତା'ର ଇସ୍ତାହାରରେ ଚାଷୀଙ୍କ ପାଇଁ ଅନେକ ପ୍ରତିଶ୍ରୁତି ଅଜାଡ଼ି ଦେଇଛି। କ୍ଷମତାକୁ ଆସିଲେ କଂଗ୍ରେସ ଶାସିତ ଅନ୍ୟ ରାଜ୍ୟ ଭଳି ସମସ୍ତ କୃଷିଋଣ ଛାଡ଼ କରାଯିବ। କୃଷି ବିକାଶ ଓ ଯୋଜନା ପାଇଁ ଜାତୀୟସ୍ତରରେ ଏକ କମିଶନ ଗଠନ କରାଯିବ ବୋଲି କଂଗ୍ରେସ ଇସ୍ତାହାରରେ ପ୍ରତିଶ୍ରୁତି ଦିଆଯାଇଛି। ଫସଲ ବୀମା ଯୋଜନାର ଦୋଷତ୍ରୁଟି ସୁଧାରିବା ସହିତ କୃଷି ଉତ୍ପାଦର ବିପଣନ ଓ ରପ୍ତାନି ବୃଦ୍ଧି ପାଇଁ ସୁବ୍ୟବସ୍ଥା କରିବାକୁ କଂଗ୍ରେସ ପ୍ରତିଶ୍ରୁତି ଦେଇଛି।

ଏହିସବୁ ରାଜନୈତିକ ଦଳର କୃଷି ଓ କୃଷକଙ୍କ ସମ୍ପର୍କିତ ଇସ୍ତାହାର ପ୍ରସଙ୍ଗରେ ନବନିର୍ମାଣ କୃଷକ ସଂଗଠନର ରାଷ୍ଟ୍ରୀୟ ସଂଯୋଜକ ଅକ୍ଷୟ କୁମାର କହିଛନ୍ତି ଯେ, ନିର୍ବାଚନ ସମୟରେ ସମସ୍ତ ରାଜନୈତିକ ଦଳ ବିଭିନ୍ନ ପ୍ରତିଶ୍ରୁତି ଦେଇଥାନ୍ତି। ଏହାପରେ ସେହିପ୍ରତିଶ୍ରୁତିକୁ ଯଦି ପାଳନ କରନ୍ତେ ତେବେ ତା'ର ମହତ୍ତ୍ୱ ରୁହନ୍ତା। କିନ୍ତୁ କୃଷକଙ୍କ କ୍ଷେତ୍ରରେ ପ୍ରତିଶ୍ରୁତି ପାଳନ କରୁନାହାନ୍ତି। ତେଣୁ ରାଜନୈତିକ ଦଳଗୁଡିକ ଉପରେ ଚାଷୀଙ୍କ ଭରସା ତୁଟିଯାଉଛି। ଚାଷୀ ନିଜର ଦାବି ହାସଲ କରିବାକୁ ଶାନ୍ତିପୂର୍ଣ୍ଣ ଭାବେ ଭୁବନେଶ୍ୱରରେ ଧାରଣା ଦେବାକୁ ଅନେକ ଥର ଯୋଜନା କରିଛନ୍ତି। କିନ୍ତୁ ରାଜ୍ୟ ସରକାର ଯେଉଁଭଳି ଭାବରେ ଚାଷୀଙ୍କୁ ଭୁବନେଶ୍ୱରକୁ ଯିବାକୁ ଦେଇ ନାହାନ୍ତି, ବାରମ୍ବାର ଗିରଫ କରିଛନ୍ତି ତାହା ଚଳିତ ନିର୍ବାଚନରେ ପ୍ରଭାବ ପକାଇବ। ଚାଷୀଙ୍କୁ ସନ୍ତୁଷ୍ଟ କରିବାକୁ ଯାଇ ରାଜ୍ୟ ସରକାର କାଳିଆ ଯୋଜନା ପ୍ରଣୟନ କରିଛନ୍ତି। ଏଥିରେ ୪୦ ଲକ୍ଷ ଚାଷୀଙ୍କୁ ସାମିଲ କରାଯାଇଛି ବୋଲି ସରକାର ଦାବି କରୁଛନ୍ତି। କିନ୍ତୁ ତା'ର ତାଲିକା ଯଦି ସରକାର ଦେଇପାରନ୍ତେ ତେବେ ସତ୍ୟାସତ୍ୟ ଜଣାପଡନ୍ତା। ପୂର୍ବରୁ ଚାଷୀମାନଙ୍କୁ ଚିହ୍ନଟ କରିବା ସମ୍ଭବ ହେଉନାହିଁ ବୋଲି ସରକାର କହୁଥିଲେ। କିନ୍ତୁ ଏବେ ପ୍ରାୟ ୬୫ ଲକ୍ଷ ଚାଷୀ ଚିହ୍ନଟ ହୋଇସାରିଛନ୍ତି ବୋଲି ସରକାର କହୁଛନ୍ତି। ତାହା କିପରି ସମ୍ଭବ ହୋଇପାରିଲା ବୋଲି ଅକ୍ଷୟ ପ୍ରଶ୍ନ କରିଛନ୍ତି।

କୃଷକ ନେତା ସୁକେଶ ପଟ୍ଟନାୟକ କହିଛନ୍ତି ଯେ, ଏହା ହେଉଛି ଏକ ନିର୍ବାଚନୀ ଚାଲ। ଉଭୟ କେନ୍ଦ୍ର ଓ ରାଜ୍ୟରେ ଶାସନ କରୁଥିବା ଦଳ ନିର୍ବାଚନ ସମୟରେ ଚାଷୀମାନଙ୍କୁ ଲୋକଦେଖାଣିଆ ପ୍ରତିଶ୍ରୁତି ଦେଉଛନ୍ତି। ସ୍ୱାମୀନାଥନ କମିଟି ରିପୋର୍ଟର ସୁପାରିସକୁ କାର୍ଯ୍ୟକାରୀ କରିବାକୁ ୨୦୧୪ରୁ ରାଜନୀତି ହେଉଛି। ରାଜନୈତିକ ଇଚ୍ଛାଶକ୍ତି ଓ ପ୍ରଶାସନିକ ଉଦାସୀନତାର ଅଭାବ ଯୋଗୁ ଏହା କାର୍ଯ୍ୟକାରୀ ହୋଇପାରୁନାହିଁ। ତେଣୁ ନିର୍ବାଚନବେଳେ ଚାଷୀଙ୍କ ପାଇଁ କୁମ୍ଭୀର କାନ୍ଦଣା କାନ୍ଦୁଥିବା ରାଜନୈତିକ ଦଳଗୁଡ଼ିକର ପ୍ରତିଶ୍ରୁତିରେ ଚାଷୀମାନେ ଭାସି ନ ଯିବା ଉଚିତ ବୋଲି ପଟ୍ଟନାୟକ କହିଛନ୍ତି।

ପଶ୍ଚିମ ଓଡ଼ିଶା କୃଷକ ସଂଗଠନ ସମନ୍ୱୟ ସମିତି ଆବାହକ ଲିଙ୍ଗରାଜଙ୍କ କହିବା ହେଲା ଭାଜପା, ବିଜେଡି ଓ କଂଗ୍ରେସ ଚାଷୀ ଭୋଟ ହାତେଇବା ଉଦ୍ଦେଶ୍ୟରେ ସେମାନଙ୍କ ଇସ୍ତାହାର ପ୍ରକାଶ କରିଛନ୍ତି। ଏଥିରେ କିଛି ନୂତନତ୍ୱ ନାହିଁ। ଚାଷୀଙ୍କ ମୂଳ ଦାବିକୁ ରାଜନୈତିକ ଦଳଗୁଡ଼ିକ ଭୁଲିଯାଇଛନ୍ତି। ଗତ କିଛି ମାସତଳେ ୫ଟି ରାଜ୍ୟର ନିର୍ବାଚନରେ ଚାଷୀମାନେ ନିର୍ଣ୍ଣାୟକ ଭୂମିକା ନେଇଥିବା ଉଭୟ କେନ୍ଦ୍ର ଓ ରାଜ୍ୟ ସରକାର ଅନୁଭବ କରିଥିବାରୁ ଇସ୍ତାହାରରେ ଚାଷୀଙ୍କୁ କିଛି ଲୋଭନୀୟ ପ୍ରତିଶ୍ରୁତି ଦିଆଯାଇଛି। ଚାଷୀଙ୍କ ମୁଖ୍ୟ ୨ଟି ଦାବି ଋଣ ମୁକ୍ତି ଓ କୃଷିଜାତ ଦ୍ରବ୍ୟର ଉତ୍ପାଦନ ଖର୍ଚ୍ଚର ପ୍ରକୃତ ମୂଲ୍ୟ ପ୍ରଦାନ ଦାବିକୁ ଅଣଦେଖା କରାଯାଉଛି। କେନ୍ଦ୍ର ଓ ରାଜ୍ୟ ସରକାର କିଛି ଅର୍ଥ ଦେଇ ନିର୍ବାଚନୀ ବୈତରଣୀ ପାର ହେବାକୁ ଚେଷ୍ଟା କରୁଛନ୍ତି। ଚାଷୀଙ୍କ ମୂଳ ସମସ୍ୟା ଅସମାହିତ ହୋଇ ରହିଯାଉଛି ବୋଲି ଲିଙ୍ଗରାଜ କହିଛନ୍ତି।

# କଷ୍ଟକୁ ସହିବାର ଧୈର୍ଯ୍ୟ ଦରକାର: ସୋନାଲି



ମୁମ୍ବାଇ

ବଲିଉଡ୍ ନାୟିକା ସୋନାଲି ବେନ୍ଦ୍ରେ ମୁମ୍ବାଇଠାରେ ଅନୁଷ୍ଠିତ ହୋଇଥିବା ୫ମ 'କାହୋକନ୍-୨୦୧୯' ଅନ୍ତର୍ଜାତୀୟ ସମ୍ମିଳନୀରେ ଯୋଗଦେଇ ସେ ତାଙ୍କ ଅନୁଭୂତି ବଖାଣିଛନ୍ତି। ଗତବର୍ଷ ସେ କ୍ୟାନ୍‌ସର ଭଳି ଏକ ମାରାତ୍ମକ ରୋଗର ଶିକାର ହୋଇଥିଲେ। ଚିକିତ୍ସା ପରେ ଏବେ ସୁସ୍ଥ ଥିବା କହିଛନ୍ତି। ସେ ହାଇଗ୍ରେଡ୍ କ୍ୟାନସ୍‌ରରେ ପୀଡିତ ଥିବା ଜଣାପଡିବା ପରେ କିଛି ଦିନ ଧରି ନ୍ୟୁୟର୍କରେ ଚିକିତ୍ସିତ ହେଉଥିଲେ। ଚିକିତ୍ସାର ପ୍ରାୟ ୭ ମାସ ପରେ ସେ ଡିସେମ୍ବରରେ ଭାରତ ଫେରିଥିଲେ। କଷ୍ଟକୁ ସହିବାର ଧୈର୍ଯ୍ୟ ରଖିବା ଦରକାର। ଯେମିତି ଗୋଟେ ଶିଶୁର ଦାୟିତ୍ୱ ବହନ କରିବାପାଇଁ ମା' ପ୍ରସ୍ତୁତ ଥାଏ, ଠିକ୍ ସେମିତି ଶାରୀରିକ କଷ୍ଟ ବହନ କରିବାକୁ ପ୍ରସ୍ତୁତ ହେବା ଦରକାର। ଆତ୍ମବିଶ୍ୱାସ ଓ ମନୋବଳ ଦୃଢ଼ କରି ନିଜକୁ ସେମିତି ପ୍ରସ୍ତୁତ କରିଥିବାରୁ ଆଜି ସୁସ୍ଥ ଅଛି ବୋଲି କହିଛନ୍ତି ସୋନାଲି। ସୋନାଲିଙ୍କ ଏହି ଅନୁଭୂତି ଅନେକଙ୍କ ପାଇଁ ପ୍ରେରଣାଦାୟକ ହେବ ବୋଲି ପ୍ରଶଂସକ ମହଲରେ ଆଲୋଚନା ହେଉଛି।

ପ୍ରଥମ ପୃଷ୍ଠାରୁ...

## ତଦନ୍ତ ଦାବି...

ଅଭିଯୋଗ ଅନୁଯାୟୀ ପ୍ରଧାନମନ୍ତ୍ରୀ ଚିତ୍ରଦୁର୍ଗକୁ ନିର୍ବାଚନ ପ୍ରଚାରରେ ଯାଇଥିବାବେଳେ ତାଙ୍କ ହେଲିକପ୍ଟରକୁ ଅନ୍ୟ ତିନୋଟି ହେଲିକପ୍ଟର ସୁରକ୍ଷା ଦେଉଥିଲେ। ଅବତରଣ ପରେ ଉକ୍ତ କଳା ଟ୍ରଙ୍କକୁ ହେଲିକପ୍ଟରରୁ ନିଆଯାଇ ଏସ୍‌ପିଜି କାରକେଡ୍ ବାହାରେ ଥିବା ଏକ ଘରୋଇ କାରରେ ରଖାଯାଇଥିଲା। ଟ୍ରଙ୍କ ରଖାଯିବା ପରେ ଉକ୍ତ ଇନୋଭା କାର୍‌ଟି ସଙ୍ଗେ ସଙ୍ଗେ ସେଠାରୁ ପଳାଇଥିଲା, ଯାହାକୁ ନେଇ ସନ୍ଦେହ ପ୍ରକାଶ କରିଛି କଂଗ୍ରେସ। ପ୍ରଶ୍ନ ଉଠୁଛି ଉକ୍ତ ଟ୍ରଙ୍କ ସୁରକ୍ଷା ପ୍ରୋଟୋକଲ ଭିତରେ ନ ଥିଲା କାହିଁକି। ଇନୋଭା କାର ପ୍ରଧାନମନ୍ତ୍ରୀଙ୍କ କାରକେଡ୍‌ରେ କ'ଣ ପାଇଁ ସାମିଲ ହୋଇ ନ ଥିଲା ଏବଂ ଉକ୍ତ କାର୍‌ଟି କାହାର।

ନିର୍ବାଚନ କମିଶନଙ୍କ ପକ୍ଷପାତ ନୀତିକୁ ଜେଡିଏସ୍ ପକ୍ଷରୁ ସମାଲୋଚନା କରାଯାଇଛି। ମୁଖ୍ୟମନ୍ତ୍ରୀ କୁମାରସ୍ୱାମୀଙ୍କୁ କାର୍‌କୁ ସେଦିନ ଏକାଧିକ ଥର ଯାଞ୍ଚ କରାଯାଇଥିବାବେଳେ ପ୍ରଧାନମନ୍ତ୍ରୀଙ୍କ ହେଲିକପ୍ଟରରୁ ସନ୍ଦେହଜନକ ବାକ୍ସ ଘରୋଇ କାରକୁ ନିଆଯିବା ଘଟଣାରେ ଇସି ଚିନ୍ତିତ ନହେବା ଆଶ୍ଚର୍ଯ୍ୟଜନକ ବୋଲି ଜେଡିଏସ୍ ଟୁଇଟର୍ ହ୍ୟାଣ୍ଡଲ୍‌ରେ ଅଭିଯୋଗ କରାଯାଇଛି।

## ସଙ୍ଗୀତ ନିର୍ଦ୍ଦେଶକ...

ହେବ ବୋଲି ପରିବାର ପକ୍ଷରୁ ସୂଚନା ଦିଆଯାଇଛି।

୧୯୩୨ ଜୁନ୍ ୨୬ ତାରିଖରେ କେନ୍ଦ୍ରାପଡ଼ାର ପଟ୍ଟାମୁଣ୍ଡାଇସ୍ଥିତ ତଟଣା ଗ୍ରାମରେ ରାଖାଲ ଜନ୍ମଗ୍ରହଣ କରିଥିଲେ। ସେ ବମ୍ବେର ଅଖିଳ ଭାରତୀୟ ଗନ୍ଧର୍ବ ମହାବିଦ୍ୟାଳୟ ମଣ୍ଡଳରେ ୧୯୭୩ ମସିହାରେ ସଙ୍ଗୀତ କ୍ଷେତ୍ରରେ ମାଷ୍ଟର ଡିଗ୍ରୀ ହାସଲ କରିଥିଲେ। ୧୯୫୫ରୁ ୧୯୭୩ ମସିହା ପର୍ଯ୍ୟନ୍ତ କଟକ କଳାବିକାଶ କେନ୍ଦ୍ରସ୍ଥିତ ଇଣ୍ଡିଆନ କଲେଜ ଅଫ ମ୍ୟୁଜିକ ଆଣ୍ଡ ଡ୍ୟାନ୍ସରେ ସଙ୍ଗୀତ ଶିକ୍ଷକ ଭାବେ କାର୍ଯ୍ୟ କରିଥିଲେ। ପରେ ୧୯୭୪ରୁ ୧୯୯୪ ମସିହା ପର୍ଯ୍ୟନ୍ତ ରାଖାଲଙ୍କର ଯାଦୁଗରି ସଙ୍ଗୀତ ଆକାଶବାଣୀରୁ ଶୁଣିବାକୁ ମିଳିଥିଲା। ଉକ୍ତ ଦୁଇ ଦଶନ୍ଧି ଧରି ସେ ଆକାଶବାଣୀ କଟକରେ ମ୍ୟୁଜିକ କମ୍ପୋଜର ଭାବେ କାର୍ଯ୍ୟ କରିଥିଲେ। ଟପ୍‌ଗ୍ରେଡ ମ୍ୟୁଜିକ କମ୍ପୋଜର ଭାବେ ଆକାଶବାଣୀ ଓ ଦୂରଦର୍ଶନ କେନ୍ଦ୍ରରେ ରାଖାଲଙ୍କର ବେଶ୍ ପରିଚୟ ରହିଛି। କ୍ୟାସେଟ ଗୀତ ଓ ଚଳଚ୍ଚିତ୍ର କ୍ଷେତ୍ରରେ ରାଖାଲ ଅନେକ ସଙ୍ଗୀତ ନିର୍ଦ୍ଦେଶନା ଦେଇଛନ୍ତି। ଘର ସଂସାର, ଅମର ପ୍ରେମ, ଶ୍ରୀକୃଷ୍ଣ ରାସଲୀଳା, ଅକ୍ଷିତୃତୀୟା, ତ୍ରିନାଥ ମେଳା ଚଳଚ୍ଚିତ୍ରରେ ସେ ସଙ୍ଗୀତ ନିର୍ଦ୍ଦେଶନା ଦେଇଛନ୍ତି। ଏହାଛଡ଼ା ତପସ୍ୱିନୀ, ଗୀତ ଗୋବିନ୍ଦ, କାଞ୍ଚି ଅଭିଯାନ, ଶକୁନ୍ତଳା, କୋଣାର୍କ, ଲାବଣ୍ୟବତୀ ଭଳି ନୃତ୍ୟନାଟିକା ପାଇଁ ସଙ୍ଗୀତ ନିର୍ଦ୍ଦେଶନା ଦେଇ ସେ ଚିରସ୍ମରଣୀୟ ହୋଇ ରହିଛନ୍ତି। ଦେଶ ବିଦେଶରେ ରାଖାଲଙ୍କୁ ଅନେକ ସମ୍ବର୍ଦ୍ଧନା ମିଳିଛି। ଅନ୍ୟପକ୍ଷରେ ସେ ନିଖିଳ ଉତ୍କଳ ସଙ୍ଗୀତ ଶିଳ୍ପୀ ପରିଷଦର ସ୍ଥାୟୀ ସଭାପତି ରହିବା ସହ ଉତ୍କଳ ସଙ୍ଗୀତ ମହାବିଦ୍ୟାଳୟ ପରିଚାଳନା କମିଟିର ସଦସ୍ୟ ଥିଲେ।

## କୀଟନାଶକ...

ଅବରୋଧ ହଟିଥିବା ଜଣାପଡିଛି। ପ୍ରକାଶ ଯେ, ସୁଶାନ୍ତ ଦୁଇ ଏକର ଡାଲୁଆ ଧାନ, ଏକ ଏକର ବିରି ଓ ମୁଗ ଚାଷ କରିଥିଲେ। ଏ ନେଇ ସେ ସ୍ୱୟଂ ସହାୟକ ଗୋଷ୍ଠୀ ଓ ଅନ୍ୟାନ୍ୟ ସୂତ୍ରରୁ ୨ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କା ଋଣ କରିଥିଲେ। ଚାଷ ଜମିରେ ପାଣି ଅଭାବ ଯୋଗୁ ଡାଲୁଆ ଧାନ ସହ ବିରି ଓ ମୁଗ ଫସଲରେ ପୋକଲାଗି ନଷ୍ଟ ହୋଇଯାଇଥିଲା। ଫସଲ ନଷ୍ଟ ସାଙ୍ଗକୁ ଋଣଭାର ଯୋଗୁ ଚିନ୍ତାଗ୍ରସ୍ତ ରହୁଥିବା ସୁଶାନ୍ତ ଶୁକ୍ରବାର ସନ୍ଧ୍ୟାରେ କୀଟନାଶକ ପିଇ ଦେଇଥିଲେ। ଗୁରୁତର ଅବସ୍ଥାରେ ପ୍ରଥମେ ତାଙ୍କୁ ବଡ଼ଚଣା ମେଡ଼ିକାଲରେ ଭର୍ତ୍ତି କରାଯାଇଥିଲା। ପରେ ସେଠାରୁ କଟକ ମେଡ଼ିକାଲକୁ ସ୍ଥାନାନ୍ତର କରାଯାଇଥିବାବେଳେ ରବିବାର ସକାଳେ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଥିବା ସ୍ତ୍ରୀ ସସ୍ମିତା ଗନ୍ତାୟତ କହିଛନ୍ତି। ମୃତ ସୁଶାନ୍ତ ଜଣେ ଗରିବ ଶ୍ରେଣୀର ଚାଷୀ ଓ ତାଙ୍କର ପାଞ୍ଚଟି ଝିଅ ଅଛନ୍ତି।

## ଆଜିର ରାଶିଫଳ

ଜ୍ୟୋତିର୍ବିଦ୍ୟା ବିଶାରଦ ପ୍ରସନ୍ନ କୁମାର ମହାପାତ୍ର
ମଙ୍ଗରାଜପୁର ଶାସନ, କାଦୁଆ, ଗଞ୍ଜାମ

**ମେଷ**

ଆଜି ପୂର୍ବବଳି କୋଣାଧିପତି ରାଶିରେ ରହି ଆପଣଙ୍କୁ ଅଭୂତପୂର୍ବ ସଫଳତାର ଗୌରବ ପ୍ରଦାନ କରିବେ। ଚତୁର୍ଥାଧିପତି ସାମାଜିକ ସ୍ତରରେ ସମ୍ମାନ ସାଙ୍ଗକୁ ବନ୍ଧୁମିଳନ, ପାରିବାରିକ ସୁଖ, ସୌହାର୍ଦ୍ଦ୍ୟ ଦେଇପାରନ୍ତି। କୃତ୍ତିକା ନକ୍ଷତ୍ର ବିଶେଷଭାବରେ ଶୁକ୍ରଙ୍କ ପ୍ରଭାବରେ ମଧୁର ମନୋହର କଥାରେ ଅନ୍ୟମାନଙ୍କୁ ଆପ୍ୟାୟିତ କରିବ।

**ବୃଷ**

ଆଜି ଚନ୍ଦ୍ରଙ୍କ ସହ ଚାରୋଟି ଗ୍ରହଙ୍କ ଷଡ଼ାଷ୍ଟକ ସ୍ଥିତି କାରଣରୁ କାର୍ଯ୍ୟ ସାଧିତ ହେଲେ ମଧ୍ୟ ଏଥିପାଇଁ ବହୁତ ସଂଘର୍ଷ କରିବାକୁ ପଡ଼ିପାରେ। ଦ୍ୱିଜା ନକ୍ଷତ୍ରର ଶିଳ୍ପ, ବାଣିଜ୍ୟ,ବ୍ୟବସାୟ, ପରିବହନ, ରାଜନୈତିକ ସଂଗଠନର ପ୍ରଚେଷ୍ଟା ଭଲରେ ଚାଲିବ। ସପ୍ତମାଧିପତି ନିଜ ରାଶିରେ ରହିଥିବାରୁ ପ୍ରବଳ ପ୍ରତିଦ୍ୱନ୍ଦ୍ୱିତାର ସାମ୍ନା କରିବାକୁ ପଡ଼ିପାରେ।

**ମିଥୁନ**

ଏକାଦଶରେ ରାଜନୈତିକ ଗ୍ରହ ରବି ଓ ରାଶିରେ ରାହୁ ଆପଣଙ୍କୁ ଉଚ୍ଚାସନରେ ପ୍ରତିଷ୍ଠିତ କରାଇପାରେ। ବିଭିନ୍ନ ଯୋଜନା କ୍ଷେତ୍ରରେ ସମସ୍ୟା ସମାଧାନ ପୂର୍ବକ ଅନୁକୂଳ ବାତାବରଣ ସୃଷ୍ଟି ହେବ। ଚତୁର୍ଥ ଭାବକୁ ବୁଧଙ୍କ ପୂର୍ଣ୍ଣଦୃଷ୍ଟି ସାମାଜିକ ସ୍ଥିତି,ସଭା ସମିତି ପାଇଁ ଅନୁକୂଳ ସ୍ଥିତି ସୃଷ୍ଟି ହେବ। ପୁନର୍ବସୁ ନକ୍ଷତ୍ରର ସହକର୍ମୀ,ପଡ଼ୋଶୀଙ୍କଠାରୁ ସାହାଯ୍ୟର ପ୍ରତିଶ୍ରୁତି ପାଇବେ।

**କର୍କଟ**

ଆଜି ଦ୍ୱାଦଶସ୍ଥ ରାହୁ ସାଙ୍ଗକୁ ଚନ୍ଦ୍ର ଓ ବୃହସ୍ପତିଙ୍କ ଷଡ଼ାଷ୍ଟକ ସ୍ଥିତି ପ୍ରଭାବରେ ଶାରୀରିକ ସ୍ୱାସ୍ଥ୍ୟ ଭଲ ରହିବ। ଯାତ୍ରାରେ ଦ୍ୱନ୍ଦ୍ୱ, ବ୍ୟବସାୟରେ ଝଗଡ଼ା, ବନ୍ଧୁପତ୍ନୀ ସହ ବିବାଦ ଓ କିଛି ନୂତନ କାମ ସମ୍ପର୍କରେ ଦୁଃଶ୍ଚିନ୍ତା ଦେଖାଦେଇପାରେ। ପୁଷ୍ୟା ନକ୍ଷତ୍ର ଶିଳ୍ପ, କଳା, ସାହିତ୍ୟ, କ୍ରୀଡ଼ା, ସଙ୍ଗୀତ ଓ ଚଳଚ୍ଚିତ୍ରାଦିରେ ଉନ୍ନତମାନର ଫଳ ପାଇବେ।

**ସିଂହ**

ରାଶ୍ୟାଧିପତି ଭାଗ୍ୟସ୍ଥାନରେ ରହି ଉଚ୍ଚ ପଦବୀ, ସୁପରିକଳ୍ପିତ ଯୋଜନା, ବିଶିଷ୍ଟବ୍ୟକ୍ତିଙ୍କ ସଙ୍ଗଲାଭର ସୁଯୋଗ ପାଇବେ। ଆପଣଙ୍କ ସକାଶେ ଆଜି ପ୍ରତ୍ୟେକ କ୍ଷେତ୍ର ଅନୁକୂଳ ବାତାବରଣ ମଧ୍ୟରେ ସମ୍ପନ୍ନ ହୋଇପାରିବ। ପୂର୍ବାଫାଲଗୁନୀ ସକାଶେ ଜମିଜମା କ୍ରୟବିକ୍ରୟ, ନିର୍ମାଣାଧୀନ କାମ, ଆମଦାନି କାରବାର ଭଲରେ ଚାଲିବ। ପ୍ରଶାସନିକ କ୍ଷେତ୍ର ପାଇଁ ଦିନଟି ବହୁତ ଭଲ।

**କନ୍ୟା**

ଚନ୍ଦ୍ରଙ୍କ ଏକାଦଶରେ ମଙ୍ଗଳ ତୃତୀୟ, ଅଷ୍ଟମାଧିପତି ଯୋଗୁ ଭ୍ରାତୃ ସମ୍ପର୍କରେ ଫାଟ ସୃଷ୍ଟି ହୋଇପାରେ। ଅଫିସରେ ସହକର୍ମୀମାନେ କାର୍ଯ୍ୟକୁ ଶୀଘ୍ର ପୂର୍ଣ୍ଣାଙ୍ଗ କରିବା ଦିଗରେ ଜାଣିଶୁଣି ବିଳମ୍ବ କରିପାରନ୍ତି। ଚିତ୍ରା ନକ୍ଷତ୍ର ସକାଶେ ବିରୋଧୀମାନଙ୍କ ଦ୍ୱାରା ହଠାତ୍ କୌଣସି ମିଥ୍ୟା ଗୁଜବ ମନକୁ ଚହଲାଇ ଦେଇପାରେ।

**ତୁଳା**

ଚନ୍ଦ୍ରଙ୍କ କେନ୍ଦ୍ରରେ ପ୍ରଭାବଶାଳୀ ରବି ଆପଣଙ୍କୁ ଉଚ୍ଚ କ୍ଷମତା ସମ୍ପନ୍ନ ପଦପଦବୀ, ବିଶିଷ୍ଟ ବ୍ୟକ୍ତିଙ୍କ ସହାୟତା ପ୍ରଦାନ କରିବ। ରାଜନୈତିକ ସ୍ତରରେ ବିଜୟ ଗୌରବ ବିମଣ୍ଡିତ ହେବାର ପୂର୍ଣ୍ଣ ଆଶା,ଭରସା କରାଯାଇପାରେ। ପ୍ରଶାସନିକ, ସାମାଜିକ ଓ ବ୍ୟବସାୟିକ ସ୍ଥିତି ମଧ୍ୟ ମନ୍ଦ ହେବନି। କିନ୍ତୁ ସମ୍ପର୍କୀୟମାନଙ୍କ ପୂର୍ଣ୍ଣ ସହଯୋଗର ଅଭାବ ପରିଲକ୍ଷିତ କରାଯାଇପାରେ।

**ବିଛା**

ଚନ୍ଦ୍ର ଓ ଶୁକ୍ର ଷଡ଼ାଷ୍ଟକ ସ୍ଥିତିରେ ରହିଥିବାରୁ ମନ ଅନୁଯାୟୀ ବନ୍ଧୁମିଳନ ଉପଭୋଗ୍ୟ ନ ହୋଇପାରେ। ଆପଣଙ୍କ ସକାଶେ କୌଣସି ଜଣାଶୁଣା ମହିଳା ସମସ୍ୟା ସୃଷ୍ଟିର କାରଣ ହେବାର ଆଶଙ୍କା ରହିଛି। ଆର୍ଥିକ ସ୍ଥିତି ଭଲ ରହିବା ସାଙ୍ଗକୁ ପାରିବାରିକ ସ୍ଥିତି ମଧ୍ୟ ମଜବୁତ୍ ରହିବ। ପାରିବାରିକ କ୍ଷେତ୍ର ଯାତ୍ରା, ବାଣିଜ୍ୟ, ସମ୍ପର୍କସ୍ଥାପନ କ୍ଷେତ୍ରରେ ବ୍ୟତିକ୍ରମ ଦେଖାଦେବ।

**ଧନୁ**

ଉପଚୟାଧିପତି ଶନି ସହ ବୃହସ୍ପତିଙ୍କ ରାଶ୍ୟାବସ୍ଥାନ ଶାରୀରିକ ଓ ମାନସିକ ସ୍ଥିତି ପାଇଁ ପ୍ରତିକୂଳ ପ୍ରଭାବ ପକାଇପାରେ। ଅନ୍ୟକୁ ପରାମର୍ଶ ଦେବାରେ ଯେତିକି ପ୍ରଶଂସିତ ହେବେ ତାହାଠାରୁ ଅଧିକ ଆତ୍ମୀୟସ୍ୱଜନ କ୍ଷେତ୍ରରେ ସମାଲୋଚିତ ହେବାକୁ ପଡ଼ିପାରେ। ବ୍ୟବସାୟିକ ତର୍କ ଓ ବିବାଦ ମଧ୍ୟରେ ମୂଳା ନକ୍ଷତ୍ର ହଇରାଣ ହରକତ ହୋଇପାରନ୍ତି।

**ମକର**

ଏକାଦିକ୍ରମେ ରବି,ଚନ୍ଦ୍ର,ମଙ୍ଗଳ ଓ ଶୁକ୍ରଙ୍କ ସ୍ଥାନସ୍ଥିତି ଆପଣଙ୍କ ପାଇଁ ଅନୁକୂଳ ହେତୁ ଯାହା ଯେମିତି ଆଶା କରୁଛନ୍ତି ସେପରିହିଁ ହୋଇପାରିବ। ଧନାଧିପତିଙ୍କ ଦୃଷ୍ଟି ପ୍ରଭାବରେ ମୁହଁରେ ହସ ଲାଖି ରହିବ ଏବଂ ପକେଟ ମଧ୍ୟ ଖାଲି ରହିବ ନାହିଁ। ପାରିବାରିକ, ପରିବହନ, ପ୍ରଶାସନ, ପ୍ରକାଶନ,ସାହିତ୍ୟ,ସାମ୍ବାଦିକତା ପାଇଁ ପ୍ରକୃଷ୍ଟ ଦିବସଟିଏ।

**କୁମ୍ଭ**

ସାହାଯ୍ୟ, ସହଯୋଗ ପାଇଲେ ମଧ୍ୟ ଯଥାସାଧ୍ୟ ପ୍ରତ୍ୟେକ କାମକୁ ସମ୍ପନ୍ନ କରିବେ ସତ କିନ୍ତୁ ଟେନ୍ସନ ଜମା ଛାଡିବ ନାହିଁ। ଅର୍ଥ ସମ୍ପର୍କ, ବନ୍ଧୁଙ୍କ ସହ ଯୋଗାଯୋଗ, ସନ୍ତାନଙ୍କ ଶିକ୍ଷା,ସାମ୍ବାଦିକତା ପ୍ରଭୃତିରୁ ସନ୍ତୋଷ ଲାଭ କରିବେ। କିନ୍ତୁ ଯାତ୍ରା, ବାଣିଜ୍ୟ, ପରିବହନରେ ସମସ୍ୟା ସାଙ୍ଗକୁ ପରିବାର ମଧ୍ୟରେ ଛୋଟ କଥାକୁ ଧରି ବସିଲେ ଅନର୍ଥ ସୃଷ୍ଟି ହୋଇପାରେ।

**ମୀନ**

ଆଜିର ଗ୍ରହସ୍ଥିତି ବହୁଳାଂଶରେ ଭଲ ରହିଥିବାରୁ ପ୍ରତ୍ୟେକ କାମ ସହଜରେ ସମ୍ପନ୍ନ ହୋଇପାରିବ। କିନ୍ତୁ ପରୋକ୍ଷ ଶତ୍ରୁତା,ସାମୟିକ ସମସ୍ୟା,ନୀଚଜନଙ୍କ ସହ ଝଗଡ଼ା ମାନସିକ ସ୍ଥିତିକୁ ବିଡମ୍ବିତ କରିଦେଇପାରେ। କେତେକ କ୍ଷେତ୍ରରେ ବିବାଦୀୟ ଘଟଣା ଟିକିଏ ଜଟିଳ ଆଡ଼କୁ ଗତି କରିବାର ଆଶଙ୍କା ରହିଛି।

ଆଜି ଚୈତ୍ର ଶୁକ୍ଳପକ୍ଷର ସ୍ମାର୍ତସମ୍ମତ କାମଦା ଏକାଦଶୀ ସୋମବାର,ଶ୍ରୀମନ୍ଦିରରେ ଯଜ୍ଞରକ୍ଷା ଓ ସୀତା ବିବାହ ଲୀଳା, ଏପ୍ରିଲ ୧୫ ତାରିଖ,ଏକାଦଶୀର ଏକୋଦ୍ଦିଷ୍ଟ ଓ ପାର୍ବଣ ଶ୍ରାଦ୍ଧ, ଅଦ୍ୟ ଏକାଦଶୀ ଉପବାସ, ଦିବା ଘ୭।୦୨ମି. ମଧ୍ୟେ ଘ୧।୨୧ମି. ଗତେ, ଘ୨।୫୫ମି. ମଧ୍ୟେ ଘ୪।୩୦ମି. ଗତେ, ଘ୬।୩୦ମି. ମଧ୍ୟେ ଅମୃତ ବେଳା ଏବଂ ଦିବା ଘ୮।୩୬ମି. ଗତେ ଘ୧୦।୧୦ମି. ମଧ୍ୟେ, ଘ୨।୫୫ମି. ଗତେ ଘ୪।୩୦ମି. ମଧ୍ୟେ ମାହେନ୍ଦ୍ର ବେଳା। ସକାଳ ଘ୭।୦୬ମି. ଗତେ ଘ୮।୩୯ମି. ମଧ୍ୟେ ରାହୁକାଳ।


# classifieds

real estate

**SALE**

Bhubaneswar AIIMS front Govt. road କୁଲାଗି gharabari yellow zone plot ବିକ୍ରିହେବ: 8480745797. D-66308

ଭୁବନେଶ୍ୱର ପିତାପଲ୍ଲୀ NH5 ଠାରୁ 50' ଦୂରରେ 30' ରାସ୍ତା ଥାଇ ପ୍ଲଟ୍ ମିଳୁଅଛି। 8338932027. D- 66333

Bhubaneswar GITA College ଠାରେ 1200 sqft. 4,50,000/-ରେ demarcated plot ମିଳୁଅଛି। 9937823228. D-66306

ଭୁବନେଶ୍ୱର ଜଟଣୀଗେଟ୍ NH-5ରୁ କିଛି ଦୂରତାରେ plot 1200କୁ 1,32,000/-, BEC College ଠାରେ 1200କୁ 3,00,000/- (outright). 9776934361, 8144706560. D-66317

30 ଫୁଟ ରାସ୍ତା ଥାଇ ଭୁବନେଶ୍ୱର ଯାଆଁଳାଠାରେ ହରିଜନ ଘରବାରି ପ୍ଲଟ ବିକ୍ରିହେବ। Contact: 9668243484, 9437504683. D-66075

Bhubaneswar Infocity-II boundaryକୁ ଲାଗି sqft.-600/-ରେ ପାଚେରି ସହ plot ବିକ୍ରିହେବ। 8658962508, 8480864171. D-66336

30' road, electricity, boundary ଥାଇ BDA plot Bhubaneswar Patapalli chhakରେ ମିଳୁଅଛି। 9090963952. D-66343

ଭୁବନେଶ୍ୱର KEC, ଗୁଡ଼ିଆ ପୋଖରୀଠାରେ 30'road Boundary wall, electry, gharabari, temple, sqft. 650/-ରେ ଦିଆଯାଉ ଅଛି। 7008045582, 9692003948. D-12088

Bhubaneswar Patrapada Market HDFC bankରୁ 500 mtr କଲୋନୀ ଭିତରେ BDA yellow zone plot କିଣି ତୁରନ୍ତ ଘର କରନ୍ତୁ। 6370292040. D-66339

Gharabari plot behind Hitech Plaza, beside 30' road with boundary wall- 490/-, Pradhan sahi mouza (SC plot) - 650/-, 9090008333, 9437357287. D-12089

ଘରବାରି plot sale ନଖରା ବ୍ରାହ୍ମଣଝରିଲୋ ପିଚୁରୋଡ଼ sideରେ 3000 sqft. 16,50,000/- 9437306208. D-66337

Gharabari plot with boundary wall, sand filling for sale at Pahala. Contact: 9437321343. D-12131

ନଖରା ତ୍ରିନାଥ ବଜାର ଠାରେ SC ଘରବାରି ପ୍ଲଟ 1200କୁ 3,80,000/- ପ୍ରତାପ ନଗରୀ ଧାଙ୍କୁଲେଇ ପିଠ ଠାରେ 1200କୁ 3,00,000/- (outright). 9776934361, 8144706560. D-66318

1600 sqft. Gharabari plot with Boundary 30'road Electricity- 11,52,000/- near infovalley Batabhuasuni Temple. 9438400633. D-66338

Now Matrimonial ads. only on Wednesday & Sunday Book 1 Get 1 FREE

Book 4BHK duplex having land area 1750 sqft. and construction area 2400 sqft., near ITER College, Jagamara, Bhubaneswar. Price- 93 lakhs, 7326084916. D-66085

TO LET
to-let

5000 sqft. godown near Dhenkanal Rly station/ sliding previously cement godown. 9437023399. D-62093

healthcare

Fully refreshed/ relaxed body massage by expert therapist, Shastri Nagar. 7377984773. D-66060

Rejuvenate and Ayurvedic full body massage by smart therapist. 9114402304. D-66059

Summer special mesmerizing offer expert therapeutic refreshing massage appointment. 9668374480. D-66080

Herbal full body massage with refreshment by well trained therapist. 7381239385, 0674-2540855. D-66076

Experience full body massage with us by experts. Enquiry- 0674-2597822, 7377048581. D-66077

Herbal full body massage by smart/expert therapist. Contact: 8338067247. D-66078

Ayurvedic full body massage ladies/ gents experts therapist. 8338097451. D-65877

Newly opening ayurvedic body massage smart therapist Shree herbal. 7750020754. D-66079

Newly open body massage by ladies/ gents Samantrapur, BBSR. 7749975576. D-65875

Ayurvedic full body massage ladies/ gents smart experts therapist. 9114697517. D-65876

ନିଜର ପ୍ରିୟଜନମାନଙ୍କୁ ଜନ୍ମଦିନର ଶୁଭେଚ୍ଛା ଜଣାନ୍ତୁ କେବଳ ଟ୨୧୦/-ରେ। ବିବାହ ଶୁଭେଚ୍ଛା ଟ୩୧୫/- (ଫଟୋ ସହ) ଏବଂ ଟ୨୧୦/- (ବିନା ଫଟୋ)ରେ। ବି.ଦ୍ର.: ଶୁଭେଚ୍ଛା ୬ସେମି. (H) X ୫ସେମି. (W) ହେବା ଆବଶ୍ୟକ।

### ପାଠକଙ୍କ ପାଇଁ ସୂଚନା

କ୍ଲାସିଫାଏଡରେ ପ୍ରକାଶିତ କେତେକ ବିଜ୍ଞାପନକୁ ଭିତ୍ତିକରି କିଛି ପାଠକ ଠକାମିର ଶିକାର ହେଉଥିବା ଆମର ଦୃଷ୍ଟିଗୋଚର ହେଉଛି। ବିଜ୍ଞାପନ ଦେଉଥିବା ସଂସ୍ଥାମାନଙ୍କ ସହ କାରବାର କରିବା ପୂର୍ବରୁ ସବିଶେଷ ତଥ୍ୟ ଓ ନିଜର ବିବେକ ଖଟାଇ କାରବାର କରନ୍ତୁ। ଏଥିପାଇଁ ଧରିତ୍ରୀ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ।

# ମନେ ପଡ଼ନ୍ତି

**ଅଶ୍ରୁଳ ଶ୍ରଦ୍ଧାଞ୍ଜଳି**
ଦ୍ୱିତୀୟ ଶ୍ରାଦ୍ଧବାର୍ଷିକ ଉପଲକ୍ଷେ



**ସ୍ୱର୍ଗତ ନରେନ୍ଦ୍ରନାଥ ଦାଶ**
(ଧୂଷା ଭାଇନା)
ସୁମଣାଶାସନ, ବାଲିପାଟଣା, ଖୋର୍ଦ୍ଧା
ଆବିର୍ଭାବ: ୨୩।୦୧।୧୯୪୪
ତିରୋଧାନ: ୦୬।୦୪।୨୦୧୭
ଆଜି ତୁମର ଦ୍ୱିତୀୟ ଶ୍ରାଦ୍ଧବାର୍ଷିକରେ ତୁମ ଅମର ଆତ୍ମାର ସଦ୍‌ଗତି ନିମନ୍ତେ ପ୍ରଭୁ ଶ୍ରୀଜଗନ୍ନାଥଙ୍କ ଚରଣରେ ଆନ୍ତର ପ୍ରାର୍ଥନା।
ଶୋକସନ୍ତପ୍ତ
ପୁତ୍ର, ପୁତ୍ରବଧୂ, କନ୍ୟା, ଜାମାତା, ନାତିନାତୁଣୀ, ବନ୍ଧୁ ଓ ପରିବାରବର୍ଗ।
ଧ-୬୫୮୭୮

**ଦ୍ୱିତୀୟ ଶ୍ରାଦ୍ଧବାର୍ଷିକୀ**



**ସ୍ୱର୍ଗତା ସତ୍ୟଭାମା ମହାନ୍ତି**
ପ୍ଲଟ୍ ନଂ.୧୦୧, ବୁଦ୍ଧେଶ୍ୱରୀ କଲୋନୀ, ଭୁବନେଶ୍ୱର
ଆବିର୍ଭାବ: ୨୦।୦୧।୧୯୩୭
ତିରୋଧାନ: ୧୫।୦୪।୨୦୧୭
'ମା' ଆପଣଙ୍କୁ କୋଟି କୋଟି ପ୍ରଣାମ। ଆପଣଙ୍କ ବଳିଷ୍ଠ ବ୍ୟକ୍ତିତ୍ୱ, ଅନାବିଳ ସ୍ନେହ, ନିଷ୍ଠାପର କାର୍ଯ୍ୟ ନିପୁଣତା ଆମ ସମସ୍ତଙ୍କର ଜୀବନର ଧ୍ୟେୟ ହେଉ। ଆପଣଙ୍କ ପ୍ରଦତ୍ତ ଆଲୋକ ରୂପକ ଆଶୀର୍ବାଦରେ ଆଲୋକିତ ହେଉଥାଉ ଆମ ପରିବାର। ଆପଣଙ୍କ ଅମରାତ୍ମାର ସଦ୍‌ଗତି ନିମନ୍ତେ ପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିକଟରେ ବିନମ୍ର ପ୍ରାର୍ଥନା।
ଶୋକସନ୍ତପ୍ତ: ପୁତ୍ର-ଲୁଲୁ, ବୋହୂ-ମଧୁମିତା।
ଧ-୫୬୧୭୦

**ପ୍ରଥମ ଶ୍ରାଦ୍ଧବାର୍ଷିକୀ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି**



**✓ ମନୋରମା ସେଠୀ**
ଆବିର୍ଭାବ : ୦୬/୧୧/୧୯୬୦
ତିରୋଧାନ : ୨୭/୦୩/୨୦୧୮
କ୍ରୀଷ୍ଟା ଗାର୍ଡେନ୍, ଏ/୩
ଫେଜ୍-୨,ଜାଗମରା,ଭୁବନେଶ୍ୱର
ହେ ମହାନ୍ ଆତ୍ମା ତୁମ ଅଗାଢ ସ୍ନେହ, ଶ୍ରଦ୍ଧା, ତ୍ୟାଗ, କର୍ତ୍ତବ୍ୟପରାୟଣତା ଓ ସରଳ ଜୀବନ ଶୈଳୀ ଆମ୍ଭମାନଙ୍କର ପ୍ରେରଣାର ଉତ୍ସ ହୋଇ ରହିଥିବ ଓ ତୁମେ ସବୁବେଳେ ମନେପଡୁଥିବ। ମହାପ୍ରଭୁ ଶ୍ରୀ ଶ୍ରୀ ଜଗନ୍ନାଥ ତୁମର ଆତ୍ମାକୁ ଶାନ୍ତି ଓ ସଦ୍‌ଗତି ପ୍ରଦାନ କରନ୍ତୁ। ଏହା ହିଁ ଭକ୍ତିଭରା ପ୍ରାର୍ଥନା।
ଶୋକସନ୍ତପ୍ତ ; ସ୍ୱାମୀ - ହରେକୃଷ୍ଣ ସେଠୀ
ପୁତ୍ର - ହିମାଂଶୁ, କାଳିନ୍ଦୀ ଓ ସୁଧାଂଶୁ
ପୁତ୍ରବଧୂ, ଝିଅର ଯାଆ, ଝିଅ ଜ୍ୱାଇଁ, ପୁତୁରା ଝିଆରୀ, ନାତି ପରିବାରବର୍ଗ ଓ ପ୍ରିୟଜନ।
ଧ-୫୯୯୨୯

**ଏକାଦଶାହ ତିଥିରେ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି**



**ସ୍ୱର୍ଗତ ଧ୍ରୁବରାଜ ବସନ୍ତରାୟ**
ଖଣ୍ଡପଡ଼ା, ଦାଣ୍ଡସାହି
ଆବିର୍ଭାବ: ୨୮ ଏପ୍ରିଲ ୧୯୪୨
ତିରୋଧାନ: ୦୫ ଏପ୍ରିଲ ୨୦୧୯
ଚାହୁଁ ଚାହୁଁ ଦଶଦିନ ବିତିଗଲା। କାହିଁକି କେଜାଣି ଗ୍ରହଣ କରିପାରୁନୁ ସୃଷ୍ଟିର ଏହି ନିଷ୍ଠୁର ସତ୍ୟକୁ। ସ୍ୱଶରୀରରେ ତୁମକୁ ଦେଖିବାତ ଏ ଜନ୍ମରେ ଅସମ୍ଭବ। ତେବେ, ଯେଉଁଠି ଥାଆନ୍ତୁ ଖୁସିରେ ରୁହନ୍ତୁ। ତୁମ ଅମର ଆତ୍ମାର ସଦ୍‌ଗତି ନିମନ୍ତେ ପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିକଟରେ ପ୍ରାର୍ଥନା କରୁଛୁ। ଆଶିଷ ଉତ୍ସାହୀ, ଶୋକସନ୍ତପ୍ତ ପରିବାର ଓ ଆତ୍ମୀୟସ୍ୱଜନ।
ଧ-୧୨୧୫୪




## ସଂକ୍ଷେପରେ

### କେପି ସିଂଦେଓ ଅସୁସ୍ଥ

**ଢେଙ୍କାନାଳ ଅଫିସ, ୧୪।୪:** ଢେଙ୍କାନାଳ ଲୋକ ସଭା ନିର୍ବାଚନରେ ପ୍ରତିଦ୍ୱନ୍ଦ୍ୱିତା କରୁଥିବା ବରିଷ୍ଠ କଂଗ୍ରେସ ନେତା କାମାକ୍ଷା ପ୍ରସାଦ ସିଂଦେଓ (କେପି) ଅସୁସ୍ଥ ହୋଇପଡ଼ିଛନ୍ତି। ୨ଦିନ ତଳେ ନିର୍ବାଚନ ପ୍ରଚାର କରୁଥିବାବେଳେ ଅସହ୍ୟ ତାତି ସହି ନ ପାରି ସେ ଅସୁସ୍ଥ ହୋଇପଡ଼ିଥିଲେ। ତାଙ୍କୁ ଭୁବନେଶ୍ୱରସ୍ଥିତ ଏକ ଘରୋଇ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ଶରୀରରେ ସୋଡିୟମ୍ ମାତ୍ରା କମିଯିବାରୁ ଏପରି ସମସ୍ୟା ସୃଷ୍ଟି ହୋଇଛି। ହସ୍ପିଟାଲରେ ୩ ଦିନ ରହିବାକୁ ଡାକ୍ତର ପରାମର୍ଶ ଦେଇଛନ୍ତି। ପରୀକ୍ଷା ରିପୋର୍ଟରୁ ତାଙ୍କର ସେଭଳି କୌଣସି ସମସ୍ୟା ନ ଥିବା ଜଣାପଡ଼ିଛି। ରବିବାର କେପିଙ୍କ ସ୍ୱାସ୍ଥ୍ୟାବସ୍ଥାରେ ସୁଧାର ଆସିଥିବା ତାଙ୍କ ବଡ଼ପୁଅ ଅମରଜ୍ୟୋତି ସିଂଦେଓ ସୂଚନା ଦେଇଛନ୍ତି।

### ବିଜେଡିରେ ସାଙ୍ଗଠନିକ ଦାୟିତ୍ୱ ବଣ୍ଟନ

**ଭୁବନେଶ୍ୱର, ୧୪।୪(ବ୍ୟୁରୋ):** ସଞ୍ଜୟ ବାବୁ ଓ ସନ୍ତୋଷ ଜେନାଙ୍କୁ ବିଜେଡି ସମ୍ପାଦକ ଭାବେ ନିଯୁକ୍ତି ଦିଆଯାଇଛି। ସେହିପରି ସନ୍ତୋଷ ଲେଙ୍କା ବିଜେଡି ମିଡିଆ ପ୍ୟାନେଲିଷ୍ଟ ଭାବେ ମନୋନୀତ ହୋଇଛନ୍ତି। ବିଜେଡି ସଭାପତି ତଥା ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଅନୁମୋଦନକ୍ରମେ ଏହି ନିଯୁକ୍ତି କରାଯାଇଛି।

■ ପ୍ରଚଳନ ହେଲା ନୂଆ ପାଞ୍ଜି

# ଚଳିତ ବର୍ଷ ଓଡ଼ିଶାରେ କୃଷି ଉତ୍ପାଦନ ମଧ୍ୟମ

**ପୁରୀ ଅଫିସ, ୧୪।୪**

ସୌରମାନ ମାସ ଅନୁସାରେ ରବିବାର ଓଡ଼ିଆ ବର୍ଷର ପ୍ରଥମ ଦିନ ଏବଂ ମେଷ ମାସର ସଂକ୍ରାନ୍ତି ତଥା ମହାବିଷୁବ ସଂକ୍ରାନ୍ତି ବା ପଣାସଂକ୍ରାନ୍ତି। ଏହିଦିନଠାରୁ ଏକମାସ ପର୍ଯ୍ୟନ୍ତ ସୂର୍ଯ୍ୟଦେବ ମେଷ ରାଶିରେ ଅବସ୍ଥାନ କରିଥାନ୍ତି। ଦୋଳପୂର୍ଣ୍ଣିମାରେ ଦୋଳଗୋବିନ୍ଦଙ୍କ ନିକଟରେ ସମର୍ପଣ ହୋଇଥିବା ପାଞ୍ଜି ଏହି ଦିନଠାରୁ ପ୍ରଚଳନ ଆରମ୍ଭ ହୋଇଛି। ପାଞ୍ଜି ସଂକ୍ରାନ୍ତରେ ଗବେଷକ ଡ. ନରେଶ ଚନ୍ଦ୍ର ଦାଶ କହିଛନ୍ତି, ପାଞ୍ଜିରେ ଚଳିତବର୍ଷ ଗ୍ରହମାନଙ୍କ ସ୍ଥିତିକୁ ଲକ୍ଷ୍ୟକଲେ ଜଣାଯାଏ, ୪।୧୧।୨୦୧୯ ସୋମବାର ରାତ୍ରି ୯ଟା ୧୨ ମିନିଟ୍ ସମୟେ ବୃହସ୍ପତି ମୂଳା ନକ୍ଷତ୍ର ଧନୁରାଶିକୁ ଗମନ କରିବେ। ଏ ବର୍ଷ ରାହୁ କେତୁ ଚଳନ ହେବନାହିଁ। ୧୬।୭।୨୦୧୯ ମଙ୍ଗଳବାର ଆଷାଢ଼ ପୂର୍ଣ୍ଣିମା ତିଥିରେ ଖଣ୍ଡଗ୍ରାସ କେତୁଗ୍ରସ୍ତ ଚନ୍ଦ୍ରଗ୍ରହଣ ଅନୁଷ୍ଠିତ ହେବ। ସେହିପରି ୨୬।୧୨।୨୦୧୯ ଗୁରୁବାର ପୌଷ ଅମାବାସ୍ୟା ଦିନ ଖଣ୍ଡଗ୍ରାସ କେତୁଗ୍ରସ୍ତ ସୂର୍ଯ୍ୟୋପରାଗ ଅନୁଷ୍ଠିତ ହେବ। ଏ ବର୍ଷ ରାଜା ହେଉଛନ୍ତି ରବି, ମନ୍ତ୍ରୀ ବୁଧ, ପୁରୋହିତ ଶନି, ଜ୍ୟୋତିଷୀ ମଙ୍ଗଳ, ପରୀକ୍ଷକ ଶୁକ୍ର, ଡଗର ବୃହସ୍ପତି ଓ ଅର୍ଥରକ୍ଷକ ହେଉଛନ୍ତି ବୁଧ। ଧନୁ ରାଶିରେ ବାରମ୍ୱାର ପଞ୍ଚ ଏବଂ ଷଡ଼ଗ୍ରହକୂଟ ରହିଛି। ଫଳରେ ଏହା ପୃଥିବୀର ଜନସମାଜ ପ୍ରତି ଶୁଭସୂଚକ ନୁହେଁ। ଶନି, ରାହୁ ପରସ୍ପର ସପ୍ତମ ଭାବରେ ରହୁଥିବାରୁ ପୃଥିବୀର ଉନ୍ନତ ରାଷ୍ଟ୍ରମାନଙ୍କ ମଧ୍ୟରେ ଧ୍ୱଂସର ତାଣ୍ଡବଲୀଳା, ବିସ୍ଫୋରଣ, ରକ୍ତପାତ ଓ ଜନଅସନ୍ତୋଷ ବୃଦ୍ଧି ପାଇବ। ଶନିଦୃଷ୍ଟି ଫଳରେ ଆଫ୍ରିକା ମହାଦେଶର ପୂର୍ବ ଭାଗ ଓ ସଉଦି ଆରବ ଅଞ୍ଚଳରେ ବାରମ୍ୱାର ପ୍ରାକୃତିକ ବିପର୍ଯ୍ୟୟ, ବିସ୍ଫୋରଣ, ଆକାଶଯାନ ଦୁର୍ଘଟଣା ଦେଖାଯିବ। ଭାରତର ସ୍ଥିତିକୁ ଦେଖିଲେ ଚଳିତବର୍ଷ ଖାଦ୍ୟ ସଙ୍କଟ ତଥା ମୂଲ୍ୟବୃଦ୍ଧି ଉତ୍କଟ ହେବ। ବହିର୍ବାଣିଜ୍ୟ ଓ ବୈଦେଶିକ ବ୍ୟାପାର କ୍ଷେତ୍ରରେ ଉନ୍ନତି ଘଟିବ। ଶ୍ରମ, ଶିଳ୍ପ, ଯୋଜନା, ସମନ୍ୱୟ, ଜନକଲ୍ୟାଣ, ପ୍ରତିରକ୍ଷା ଓ ପରିବାର ନିୟୋଜନ ଆଦି କ୍ଷେତ୍ରରେ ଉନ୍ନତି ପରିଲକ୍ଷିତ ହେବ। ଅକ୍ଟୋବର ଏବଂ ନଭେମ୍ବରରେ ଦକ୍ଷିଣ ପୂର୍ବ ଉପକୂଳରେ ବାତ୍ୟା, ବନ୍ୟାର ଆଶଙ୍କା ରହିଛି। ସେହିପରି ଓଡ଼ିଶାରେ ଏ ବର୍ଷ କୃଷି ଉତ୍ପାଦନ ମଧ୍ୟମ ହେବ। ନିତ୍ୟବ୍ୟବହାର୍ଯ୍ୟ ପଦାର୍ଥର ମୂଲ୍ୟ ବୃଦ୍ଧି ନେଇ ଜନ ଅସନ୍ତୋଷ ଦେଖାଦେବ। ରାଜ୍ୟର ଅନେକ ସ୍ଥାନରେ ଦୁର୍ନୀତି ଓ ଭ୍ରଷ୍ଟାଚାର ମୁଣ୍ଡ ଟେକିବ। ବହୁକ୍ଷେତ୍ରରେ ଶାସକୀୟ ଦୁର୍ବଳତାର ସୂଚନା ରହିଛି। ରାଜନୈତିକ ଝଡ଼ ବର୍ଷସାରା ଲାଗି ରହିବ। ବାରମ୍ୱାର ବିଭାଗ ଅଦଳବଦଳର ସମ୍ଭାବନା ରହିଛି। ବିଭିନ୍ନ ସ୍ଥାନରେ ଅଗ୍ନିଉତ୍ପାତ ଏବଂ ଉତ୍ତର ପୂର୍ବ ଓଡ଼ିଶାରେ ପ୍ରବଳ ବନ୍ୟା, ବାତ୍ୟାର ଆଶଙ୍କା ରହିଛି। ତଥାପି ଶିକ୍ଷା, ସ୍ୱାସ୍ଥ୍ୟ, ପରିବେଶ ପ୍ରଭୃତି କ୍ଷେତ୍ରରେ ଉନ୍ନତି ପରିଲକ୍ଷିତ ହେବ ବୋଲି ଡ. ଦାଶ କହିଛନ୍ତି।

# ସ୍ୱଚ୍ଛ, ଅବାଧ ନିର୍ବାଚନ ଉପରେ ଗୁରୁତ୍ୱ

**ଭୁବନେଶ୍ୱର,୧୪।୪(ବ୍ୟୁରୋ)**

ସାରା ରାଜ୍ୟରେ ଶାନ୍ତିଶୃଙ୍ଖଳାର ସହ ନିର୍ବାଚନ କରିବା ପାଇଁ ମୁଖ୍ୟ ନିର୍ବାଚନ ଅଧିକାରୀ(ସିଇଓ)ଙ୍କ ପକ୍ଷରୁ ସବୁପ୍ରକାର ପଦକ୍ଷେପ ନିଆଯାଉଛି। ରାଜ୍ୟର ବିଭିନ୍ନ ଜିଲାରେ ଏବେ ସୁଦ୍ଧା ୧୩,୩୪୩ ଜାମିନବିହୀନ ଗିରଫ ପରୱାନା ଜାରି କରାଯାଇଛି। ସିଆର୍‌ପିସି ୧୦୭/୧୧୦ ଧାରା ଅନୁଯାୟୀ ୫୪,୯୨୧ ଜଣଙ୍କୁ ଅଟକ ରଖାଯାଇଛି। ୫,୧୭୭ ଲାଇସେନ୍ସପ୍ରାପ୍ତ ବନ୍ଧୁକ ସଂପୃକ୍ତ ଜିଲା ପ୍ରଶାସନରେ ଜିମା ଦିଆଯାଇଛି। ଲାଇସେନ୍ସ ନ ଥିବା ୨୩୨ ଅସ୍ତ୍ରଶସ୍ତ୍ର ଏବଂ ୧୪୩୩.୦୩୨ କିଲୋଗ୍ରାମ୍ ବିସ୍ଫୋରକ ଦ୍ରବ୍ୟ ଜବତ କରାଯାଇଛି। ବର୍ତ୍ତମାନ ସୁଦ୍ଧା ୧୨୭୯୮.୩୧୫ ବଲ୍କ ଲିଟର ମଦ ଜବତ କରାଯାଇଥିବା ଜଣାପଡ଼ିଛି। ଏହି ମଦର ଆନୁମାନିକ ମୂଲ୍ୟ ପ୍ରାୟ ୩,୫୧,୮୯,୧୭୭ ଟଙ୍କା ହେବ ବୋଲି ଆକଳନ କରାଯାଇଛି।

ଓଡ଼ିଶା ପୋଲିସ ଏବଂ ଫ୍ଲାଇଂ ସ୍କ୍ୱାଡ୍ ଦ୍ୱାରା ୨,୯୭, ୨୫୦ ଟଙ୍କା ଜବତ କରାଯାଇଛି। ଆଦର୍ଶ ଆଚରଣବିଧି ଉଲ୍ଲଂଘନ କରୁଥିବା ୩୨,୭୪,୮୪୧ ପୋଷ୍ଟରକୁ ହଟାଯାଇଛି। ବ୍ୟକ୍ତିଗତ ମାଲିକାନାରେ ଲାଗିଥିବା ୨,୮୨, ୧୯୮ ହୋର୍ଡିଂ ଓ ପୋଷ୍ଟର ଆଦିକୁ ମଧ୍ୟ ବାହାର କରିଦିଆଯାଇଛି। ରାଜ୍ୟସ୍ତରରେ ଖୋଲାଯାଇଥିବା ନିୟନ୍ତ୍ରଣ କକ୍ଷ ଟେଲିଫୋନ୍‌ନଂ.୦୬୭୪-୨୩୯୫୦୧୫କୁ ବର୍ତ୍ତମାନ ସୁଦ୍ଧା ୮୩୫ଟି କଲ୍ କରାଯାଇ ବିଭିନ୍ନ ସୂଚନା ମିଳିଛି। ସି-ଭିଜିଲ୍ ଆପ୍ ଦ୍ୱାରା ୧୨୯୩ ଅଭିଯୋଗ ଗ୍ରହଣ କରାଯାଇ ୧୨୨୬ଟିର ସମାଧାନ କରାଯାଇଛି।

# ୧୬ରେ ରୋଡ୍ ଶୋ’ କରିବେ ମୋଦି

**କାଉଣ୍ଟର ପାଇଁ ବିଜେଡିର ଯୋଜନା**

**ଭୁବନେଶ୍ୱର, ୧୪।୪(ବ୍ୟୁରୋ)**

ଗତ ୪ବର୍ଷ ମଧ୍ୟରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଓ ଭାଜପା ରାଷ୍ଟ୍ରୀୟ ଅଧ୍ୟକ୍ଷ ଅମିତ ଶାହ ଲଗାତର ଭାବେ ଓଡିଶା ଗସ୍ତରେ ଆସିଛନ୍ତି। ଚଳିତ ସାଧାରଣ ନିର୍ବାଚନ ପାଇଁ ତାରିଖ ଘୋଷଣା ହେବାପରେ ମଧ ମୋଦି ଏବଂ ଶାହ ବାରମ୍ବାର ଓଡିଶା ଆସି ବିଭିନ୍ନ ସଭାରେ ଯୋଗଦେଉଛନ୍ତି। ଗତ ଦେଢ ମାସ ମଧ୍ୟରେ ଉଭୟ ପ୍ରାୟ ୧୦ଥର ରାଜ୍ୟ ଗସ୍ତରେ ଆସିଥିବା ଦେଖିବାକୁ ମିଳିଛି। ଉଭୟଙ୍କ କାର୍ଯ୍ୟକ୍ରମ ମଧ୍ୟ ଲଗାତର ଭାବେ ଚାଲିଛି। ଆସନ୍ତା ୧୬ତାରିଖରେ ପ୍ରଧାନମନ୍ତ୍ରୀ ପୁଣିଥରେ ଓଡିଶା ଆସୁଛନ୍ତି। ଏହି ଅବସରରେ ସେ ସମ୍ବଲପୁର ଗସ୍ତ କରି ସେଠାରେ ଏକ ନିର୍ବାଚନୀ ସଭାରେ ଯୋଗଦେବେ। ସେହିଦିନ ୪ଟାରେ ଭୁବନେଶ୍ୱରଠାରେ ପହଞ୍ଚିବେ। ଏହାପରେ ବିମାନବନ୍ଦର ଠାରୁ ଏକ ବିଶାଳ ରୋଡ ଶୋ’ରେ ବାହାରି ଏୟାରପୋର୍ଟ, ଗଙ୍ଗନଗର, ଓୟୁଏଟି ଏବଂ ଶିରିପୁର ଛକ ଦେଇ ସିଟି ଓମେନ୍ସ କଲେଜ ପାଖରେ ଥିବା ବାମ ପାର୍ଶ୍ୱ ବୁଲି ଶିବ ମନ୍ଦିର ଦେଇ ବରମୁଣ୍ଡା ପଡିଆରେ ପହଞ୍ଚିବେ। ଦଳର ରାଜ୍ୟ ଉପସଭାପତି ସମୀର ମହାନ୍ତି ରବିବାର ଏହି ସୂଚନା ଦେଇଛନ୍ତି। ରୋଡ ଶୋ ପରେ ବରମୁଣ୍ଡା ପଡିଆରେ ଆୟୋଜିତ ବିଜୟ ସଂକଳ୍ପ ସମାବେଶରେ ପ୍ରଧାନମନ୍ତ୍ରୀ ଯୋଗଦେଇ ଉଦ୍‌ବୋଧନ ଦେବେ। ଏହି ଅବସରରେ ଭୁବନେଶ୍ୱର, ପୁରୀ, କଟକ, କେନ୍ଦ୍ରାପଡା, ଜଗତ୍‌ସିଂହପୁର ଲୋକ ସଭା ମଣ୍ଡଳୀ ଅନ୍ତର୍ଗତ ବିଧାନସଭା କ୍ଷେତ୍ରର ସମସ୍ତ କାର୍ଯ୍ୟକର୍ତ୍ତାମାନେ ଯୋଗଦେବେ। ଏହି ରୋଡ ଶୋ ସମୟରେ ପାରମ୍ପରିକ ବାଦ୍ୟ, ପାଇକ ଆଖଡା, ଦଣ୍ଡନାଚ, ସମର କଳା ଆଦି ପ୍ରଦର୍ଶନ କରାଯିବ। ସବୁବର୍ଗର ବ୍ୟକ୍ତିବିଶେଷମାନେ ଯୋଗଦେଇ ପ୍ରଧାନମନ୍ତ୍ରୀଙ୍କ ଏହି ରୋଡ ଶୋ ଓ ସମାବେଶକୁ ସଫଳ କରିବା ପାଇଁ ସମୀର ଅନୁରୋଧ କରିଛନ୍ତି। ଅନ୍ୟପଟେ ମୋଦିଙ୍କ ଏହି କାର୍ଯ୍ୟକ୍ରମ ଉପକୂଳ ଓଡିଶା ଉପରେ ପ୍ରଭାବ ପକାଇପାରେ ବୋଲି ରାଜନୈତିକ ମହଲରେ ଚର୍ଚ୍ଚା ଜୋର୍ ଧରିଛି। ମୋଦିଙ୍କ ଗସ୍ତର ଦିନକ ପରେ ଶାହ ପୁଣି ଓଡିଶା ଗସ୍ତରେ ଆସୁଛନ୍ତି। ଏହାପରେ ଚତୁର୍ଥ ପର୍ଯ୍ୟାୟ ନିର୍ବାଚନର ପ୍ରଚାର ପାଇଁ ପୁଣିଥରେ ମୋଦି ଓ ଶାହ ରାଜ୍ୟ ଗସ୍ତରେ ଆସିବେ ବୋଲି ଦଳର ଜଣେ ବରିଷ୍ଠ ନେତା ସୂଚନା ଦେଇଛନ୍ତି। ସେହିପରି ମୋଦିଙ୍କ ୧୬ତାରିଖ କାର୍ଯ୍ୟକ୍ରମକୁ କାଉଣ୍ଟର ଦେବା ପାଇଁ ବିଜେଡି ମଧ୍ୟ ସଜବାଜ ହେଉଥିବା ଶୁଣିବାକୁ ମିଳୁଛି।

■ ଭାଜପାର ସାଇକେଲ୍ ଯାତ୍ରା ଆରମ୍ଭ

# ରାଜଧାନୀର ପ୍ରତି ଘରେ ଦଳର ସଂକଳ୍ପ ପତ୍ର ପହଞ୍ଚାଇବେ କର୍ମୀ

**ଭୁବନେଶ୍ୱର,୧୪।୪(ବ୍ୟୁରୋ)**

ଫିର୍ ଏକ୍ ବାର୍ ମୋଦି ସରକାର ଏହି ବାର୍ତ୍ତା ନେଇ ରାଜଧାନୀର ପ୍ରତ୍ୟେକ ଘରକୁ ଭାଜପାର କେତେଜଣ କର୍ମୀ ଯିବେ। ଓଡିଶାରେ ରାଜ୍ୟ ସରକାର ବଦଳିବା ଦରକାର ଏହି ବାର୍ତ୍ତା ନେଇ ଭାଜପା ଜାରି କରିଥିବା ସଂକଳ୍ପ ପତ୍ରକୁ ଦଳର ୩୦ଜଣ ଯୁବକ ରାଜଧାନୀର ସମସ୍ତ ଗଳି, ବସ୍ତି ଏବଂ ବିଭିନ୍ନ ସ୍ଥାନକୁ ସାଇକେଲରେ ବୁଲିବେ। ଏହି ବାର୍ତ୍ତାଗୁଡିକୁ ନେଇ ରାଜଧାନୀର ଭୋଟରମାନଙ୍କ ପାଖରେ ପହଞ୍ଚାଇବେ ଏବଂ ଅଡିଓ ରେକର୍ଡିଂକୁ ଘରେ ଘରେ ଶୁଣାଇବେ ବୋଲି ଦଳ ପକ୍ଷରୁ ସୂଚନା ଦିଆଯାଇଛି। ଆସନ୍ତା ଦିନରେ ସୁନାର ଭାରତ ଏବଂ ଶକ୍ତିଶାଳୀ ଭାରତ ଗଠନ କରିବାରେ ଏହି ଯୁବ ବନ୍ଧୁମାନେ ସାହାଯ୍ୟ କରିବେ ବୋଲି ରବିବାର ସାଇକେଲ ଶୋଭାଯାତ୍ରା ଉଦ୍‌ଘାଟନ ଅବସରରେ ରାଜ୍ୟ ଉପସଭାପତି ସମୀର ମହାନ୍ତି କହିଛନ୍ତି। ରାଜ୍ୟ କାର୍ଯ୍ୟାଳୟଠାରେ ସମସ୍ତ ସାଇକେଲ ଚାଳକଙ୍କୁ ଦଳୀୟ ପତାକା ଦେଖାଇ ଏହି କାର୍ଯ୍ୟକ୍ରମର ଉଦ୍‌ଘାଟନ କରିବା ସହ ଯୁବପିଢିମାନେ ମୋଦିଙ୍କ ନେତୃତ୍ୱ ଉପରେ ଆସ୍ଥା ପ୍ରକଟ କରି ବୁଲି ବୁଲି ଲୋକମାନଙ୍କୁ ସଚେତନ କରାଇବେ ବୋଲି ସମୀର କହିଛନ୍ତି।

# ବିଜେଡି ସହ ରହିବି: ଆଶୀର୍ବାଦ

**କଟକ ଅଫିସ,୧୪।୪:** ଚଳିତ ନିର୍ବାଚନରେ ବିଜେଡିକୁ ସମର୍ଥନ ଜଣାଇବେ ଯାଦବ ନେତା ତଥା କ୍ରୀଡ଼ା ସଂଗଠକ ଆଶୀର୍ବାଦ ବେହେରା। ରବିବାର ମଧ୍ୟାହ୍ନରେ ଓସିଏ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ଖବରଦାତା ସମ୍ମିଳନୀରେ ସେ ଏହା ଘୋଷଣା କରିଛନ୍ତି। ଏଥର ସେ ବିଜେଡି ଟିକେଟ ପାଇବା ଆଶାରେ ଥିଲେ ବୋଲି ଚର୍ଚ୍ଚା ହେଉଥିଲା। କିନ୍ତୁ ତାହାକୁ ଆଶୀର୍ବାଦ ଖଣ୍ଡନ କରିଛନ୍ତି। ହେଲେ ତାଙ୍କ ସମର୍ଥନ ଯୋଗୁ ବିଜେଡି ଯାଦବ ଓ କ୍ରୀଡ଼ା ସଂଗଠନ ସହ ସମ୍ପୃକ୍ତ ଭୋଟ ହାତେଇବାରେ ସକ୍ଷମ ହେବ ବୋଲି ଚର୍ଚ୍ଚା ହେଉଛି। ଏନେଇ କଟକ-ବାରବାଟୀ ଆସନର କଂଗ୍ରେସ ପ୍ରାର୍ଥୀ ଇଂ. ମହମ୍ମଦ ମୋକିମ୍ କହିଛନ୍ତି ଯେ, କଟକବାସୀ କଂଗ୍ରେସ ପ୍ରତି ଆସ୍ଥା ରଖିଛନ୍ତି। ଆଶୀର୍ବାଦଙ୍କ ସମର୍ଥନ କୌଣସି ବଡ଼ ଫରକ ପକାଇବ ନାହିଁ। ଭାଜପା ପ୍ରାର୍ଥୀ ସମୀର ଦେ ମଧ୍ୟ ଆଶୀର୍ବାଦଙ୍କ ଘୋଷଣାକୁ ହାଲକା ଭାବେ ଗ୍ରହଣ କରି କୌଣସି ପ୍ରଭାବ ପକାଇବ ନାହିଁ ବୋଲି କହିଛନ୍ତି।

ସୂଚନାଥାଉ କି, ଭାଜପା ପ୍ରାର୍ଥୀ ସମୀର ହେଉଛନ୍ତି ଓଡ଼ିଶା ଅଲିମ୍ପିକ ଆସୋସିଏଶନର ସଭାପତି। ଅଲିମ୍ପିକ ଆସୋସିଏଶନ ଅଧୀନରେ ସମସ୍ତ କ୍ରୀଡ଼ା ସଙ୍ଗଠନ ଅନୁବନ୍ଧିତ। ପୂର୍ବରୁ ଅଲିମ୍ପିକ ଆସୋସିଏଶନର ସମ୍ପାଦକ ପଦବୀରେ ଆଶୀର୍ବାଦ ଥିଲେ। ଏଣୁ କ୍ରୀଡ଼ା ସଙ୍ଗଠନକୁ ବ୍ୟବହାର କରି ଭୋଟ ହାତେଇବା ପାଇଁ ଆଶୀର୍ବାଦ-ସମୀରଙ୍କ ଭିତରେ ଏବେ ଅଙ୍କକଷା ହେବା ନିଶ୍ଚିତ ବୋଲି ଆଲୋଚନା ହେଉଛି।

# ମୁଖ୍ୟମନ୍ତ୍ରୀଙ୍କୁ ପ୍ରଶ୍ନ ପଚାରିଲା ଭାଜପା, ମୋଦି କେଉଁଥିରେ ଫେଲ୍ କୁହନ୍ତୁ

**ଭୁବନେଶ୍ୱର, ୧୪।୪(ବ୍ୟୁରୋ):** ଜାତୀୟ ଗଣମାଧ୍ୟମ ଆଗରେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଦେଶର ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କୁ ଅଯୋଗ୍ୟ ବୋଲି କହିଛନ୍ତି। ମୋଦି ଆଉଥରେ ପ୍ରଧାନମନ୍ତ୍ରୀ ନ ହୁଅନ୍ତୁ ବୋଲି ନବୀନ ମତ ରଖିଛନ୍ତି। ଶାସନ କରିବାରେ ମୋଦି ଫେଲ୍ ହୋଇଛନ୍ତି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ମୁଖ୍ୟମନ୍ତ୍ରୀଙ୍କୁ ଭାଜପା ପକ୍ଷରୁ କେତୋଟି ପ୍ରଶ୍ନ ପଚରାଯାଇଛି। ମୋଦି କେଉଁଥିରେ ଫେଲ୍ ହୋଇଛନ୍ତି ସେ ଉତ୍ତର ରଖନ୍ତୁ। ମୋଦି ଓଡିଆରେ ଜୟ ଜଗନ୍ନାଥ କହିଲେ ବୋଲି ନବୀନବାବୁଙ୍କ ଆଖିରେ ଫେଲ୍ ହୋଇଗଲେ କି ବୋଲି ଭାଜପା ପ୍ରଶ୍ନ କରିଛି।

ଭାଜପା ରାଜ୍ୟ କାର୍ଯ୍ୟାଳୟଠାରେ ରବିବାର ଆୟୋଜିତ ଖବରଦାତା ସମ୍ମିଳନୀରେ ଦଳର ରାଜ୍ୟ ଉପସଭାପତି ସମୀର ମହାନ୍ତି କହିଛନ୍ତି ଯେ, ମୁଖ୍ୟମନ୍ତ୍ରୀ କେବେ ଭାଷଣରେ ଜୟ ଜଗନ୍ନାଥ ବୋଲି କୁହନ୍ତି ନାହିଁ। କମଳା ପୂଜାରୀ, ପ୍ରକାଶ ରାଓ, ହଳଧର ନାଗ, ଦୈତାରି ନାୟକ, ଜିତେନ୍ଦ୍ର ହରିପାଲ, ଗୋବର୍ଦ୍ଧନ ପାଣିକାଙ୍କ ଭଳି ମାଟିର ସନ୍ତାନମାନଙ୍କୁ ପଦ୍ମ ପୁରସ୍କାରରେ ପୁରସ୍କୃତ କରିବା କ’ଣ ମୋଦିଙ୍କ ଭୁଲ୍ ବୋଲି ନବୀନବାବୁ ଭାବୁଛନ୍ତି କି। ମୁଖ୍ୟମନ୍ତ୍ରୀ ଦିନେ ହେଲେ ସେମାନଙ୍କୁ ପଚାରନ୍ତି ନାହିଁ, ମାତ୍ର ମୋଦି ସେମାନଙ୍କୁ ରାଷ୍ଟ୍ରର ସବୁଠାରୁ ବଡ ପୁରସ୍କାରରେ ସମ୍ମାନିତ କଲେ। ସମୀର ଆହୁରି କହିଛନ୍ତି, ମୋଦି ସରକାର ଓଡିଶାରେ ୫୬ ଲକ୍ଷ ପରିବାର ପାଖରେ ପାଇଖାନା ପହଞ୍ଚାଇଲେ, ଦେଶର ୭ କୋଟି ତଥା ଓଡିଶାର ୩୮ ଲକ୍ଷ ଘରେ ଉଜ୍ଜ୍ୱଳା ଗ୍ୟାସ ପହଞ୍ଚାଇ ମା’ ଭଉଣୀମାନଙ୍କୁ ଧୂଆଁରୁ ମୁକ୍ତି ଦେଲେ। ପୁଲୱାମା ଆତଙ୍କବାଦୀ ଆକ୍ରମଣର ଜବାବ ପ୍ରଧାନମନ୍ତ୍ରୀ ଦେଲେ। ପ୍ରଥମ ପର୍ଯ୍ୟାୟ ନିର୍ବାଚନ ପରେ ମୁଖ୍ୟମନ୍ତ୍ରୀଙ୍କ ଭାଜପା ପ୍ରତି ଥିବା ଭୟ ଏବେ ୧୦ ଗୁଣ ବଢିଛି। ମୋଦିଙ୍କୁ ଆଉ ଥରେ ପ୍ରଧାନମନ୍ତ୍ରୀ ଭାବେ ବସାଇବା ସହ ରାଜ୍ୟରେ ଡବଲ ଇଞ୍ଜିନ ସରକାର ବସିବ ଏକଥା ସ୍ପଷ୍ଟ ହୋଇଗଲାଣି ବୋଲି ସମୀର କହିଛନ୍ତି।




*T&C apply. Ex-showroom price Odisha of TVS Radeon ES Mag BS IV Variant. Prices subject to change without prior notice. #For further details, please visit www.tvsradeon.com.
**Largest Seat in Segment (Length & Width). ^5 year warranty without any additional charges. ##Finance at the sole discretion of the financer. TVS Showrooms are open on all Sundays.

FOR ALL INSTITUTIONAL/BULK REQUIREMENTS PLEASE MAIL corporate.customersupport@tvsmotor.com: Authorised Main Dealers: BHUBANESWAR: Ashirbad TVS, Ph.: 7735341866, Jyote TVS, PH.: 7735180749, 3S TVS, Ph : : 8860629978. PURI: Krishna TVS, Ph.: 9861049633. CUTTACK: Arnapurna TVS, Ph.: 9778422980, Sai Durga TVS, Ph: 9937117562. KENDRAPADA: Samir TVS, Ph.: 8260133307. RAHAMA: Senapati TVS, Ph.: 7735969743. JAJPUR ROAD: Subash TVS, Ph.:7735911808. NAYAGARH: Kumar TVS, Ph.: 9778728751. CHANDIKHLOE : Sasmita TVS, Ph : 8860793803. Authorised Dealers: CRP Square, Bhubaneswar, Samir Motors, Ph.: 0674-2563343, 7537035786; Kakatpur, Manish Automobiles, Ph.: 9437112054/06758-231053; Khurda, Swastik Automobiles, Ph.: 9861128283, 06755-223244; Baghamari, Maa Mangala Automobiles, Ph.: 9238107505; Jagatpur, Sonu Motors, Ph.: 9861006854/9337268787; Pattamundai, Shree Durga Auto, Ph.: 9938602209;Jajpur Town, Shyama Motors, Ph.: 9438366160; Mangalpur, Sanji Motor, Ph : 9853486660; Balipatna, Rita Automobiles, Ph.: 0674-2462999, 9338200392; Khandagiri, Sai Auto World, Ph : 0674-2351766, 9338869966(Showroom);Athagarh, Siva Motors, Ph.: 9853429148; Salepur, Sarala Motors, Ph.: 8018556514; Pipli, Jagannath Motors, Ph.: 8093219941; Delang, Ranjana Automobiles, Ph : 9090214582; Jagatsinghpur, Gita Motors, Ph.: 06724-222717, 9778802623; Raj Sunakhala, Arnapurna Motors, Ph.: 7873510025; Daspalla, Bijayalaxmi Motors, Ph.: 9437354285; Rohibank, Maa Laxmi Automobiles, Ph : 9090507765; Kalapathar, Durgananda Communication, Ph : 9776942339;Ranpur, Omm Automobiles, Ph : 9778520193; Paradip, Abhishek Motors, Ph.: 9937392207; Nuapatana, Sandeep Motors, Ph.: 9937019555; Banki, Charchika Motors, Ph.: 9937015536; Jatani, Susil Automobiles, Ph : 8093198397; Balugaon, Satya Narayan Motors, Ph : 9937886712; Singhpur, Sai Motors, Ph : 9439002157; Duburi, Jayshree Motors, Ph : 9439176344; Kujang, Iniva Motors, Ph : 9178402368; Garadpur, Swarnakanti Motors, Ph : 9178194288; Nirakarpur, J K Motors, Ph : 9658971360, 06756-252360; Trisuliya, Ideal Motors, Ph : 9437586155, Khandapada, Spandan Automobiles, Ph : 9853479471, 9937153901; Erasama, Krishna Motors, Ph : 9937084847; Krushnanandapur, Ashhad Motors, Ph : 9237066573; Niali, Bharat Automobiles, Ph : 0671-2803357, 9040091921; Puranakatak, Bhairabi Automobiles, Ph : 7873727545, 9439071610; Chandpur, Rashmi Agency, Ph : 9658866993, 9337112565, 9439333723; Sakhigopal, Jagannath Auto, Ph : 9861150706; Nimapara, Ustav Automobiles, Ph : 06758-252044, 9438742101; Konark, Konark Automobiles, Ph : 9078802288; Balichandrapur, Sarthak Motors, Ph : 9439200714; Anandpur, Adyasha Motor, Ph : 9438366880; Nachuni : Shree Traders, Ph : 9337788799, 7008225699; Laxmi Automobiles, Narasinghpur, Ph : 9238545610; Sai Motors, Marshaghai, Ph : 9938837705; Sai Damodar Associates, Kandarpur, Ph : 0671-2802345, 9090098000; Phulnakhara, Dharitree Associates Pvt Ltd., Ph : 0671-2356967, 7440037801; Kuakhia, Subas Automobiles, Ph : 8114398333; Bari, L.S.Motors, Ph : 8917596087; Balianta, Pratikshya Motors, Ph : 7328080807; Mandarbasta, Soumya Auto, Ph : 9776483333; Nischintakoili, Gopinath Automobiles, Ph : 9090889132; Chandol, S B Motors, Ph : 9437108541; Brahmabarada, Friends Automobile, Ph : 9668166377, 7008050051; Naugoan, Saitirtha Automobiles, Ph : 06724-222717, 9778802623; Balitutha, Sanjukta Motors, Ph : 8093099967, 9777773277 ; Narasinghpur, Bholeswar Motors, Ph : 9658410027 ; Balikuda, Krishna Traders, Ph : 9439370305 ; Gothopatna, Sai Laxmi Motors, Ph : 9337950051, 8249710415.

ଧରିତ୍ରୀ
DHARITRI
ସୋମବାର, ୧୫ ଏପ୍ରିଲ, ୨୦୧୯

ତୁମେ ଯାହା ଜାଣିଛ– ତାହା ହିଁ ଯେ ଏକମାତ୍ର ସତ୍ୟ– ଏବଂ ତୁମର ବିଶ୍ୱାସ ଯେ ଏକମାତ୍ର ସତ୍ୟ ଏବଂ ଅନ୍ୟମାନଙ୍କ ଜ୍ଞାନ ଓ ବିଶ୍ୱାସ ସତ୍ୟ ନୁହେଁ– ତୁମେ ଯଦି ଏହିପରି ଭାବୁଥାଅ– ତା'ହେଲେ ତୁମେ ଜାଣ ଯେ, ଅତୀତରେ ବିଭିନ୍ନ ଧର୍ମ ଓ ସଂପ୍ରଦାୟର ଲୋକମାନେ ଯାହା କରୁଥିଲେ– ତୁମେ ତାହା ହିଁ କରୁଛ।
–ଶ୍ରୀମା



# ତତଲା ତାୱା

ରାଫାଲ୍ ଭୂତ କେନ୍ଦ୍ରର ଭାଜପା ସରକାରକୁ ଛାଡ଼ିଯିବାର ଦେଖାଯାଉ ନାହିଁ। ୧୩ ଏପ୍ରିଲ ୨୦୧୯ରେ ଫ୍ରାନ୍ସର ଅନ୍ୟତମ ଜଣାଶୁଣା ଖବରକାଗଜ 'ଲ ମନ୍ଦ' ରିପୋର୍ଟ ପ୍ରକାଶ କରିଛି ଯେ, ଭାରତ ଓ ଫ୍ରାନ୍ସ ମଧ୍ୟରେ ରାଫାଲ୍ ଚୁକ୍ତି ଘୋଷଣା ପରେ ଶିଳ୍ପପତି ଅନିଲ ଅମ୍ବାନୀଙ୍କ ରିଲାଏନ୍ସ କମ୍ୟୁନିକେଶନ୍ର ଫ୍ରାନ୍ସରେ ପଞ୍ଜୀକୃତ ସହଯୋଗୀ କମ୍ପାନୀ 'ରିଲାଏନ୍ସ ଆଟ୍ଲାଣ୍ଟିକ୍ ଫ୍ଲାଗ୍ ଫ୍ରାନ୍ସ'କୁ ସେଠାକାର ସରକାର ୧୪୩.୭ ନିୟୁତ ୟୁରୋ ଟିକସ ଛାଡ଼ କରିଥିଲା। ଉକ୍ତ ଖବରରୁ ଆହୁରି ଜଣାପଡ଼ିଛି ଯେ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ପ୍ୟାରିସ୍‌ରେ ରାଫାଲ୍ ଯୁଦ୍ଧବିମାନ କିଣିବା ସକାଶେ ଘୋଷଣା କରିବାର ୫ ମାସ ପରେ ଅର୍ଥାତ୍ ୨୦୧୫ ଅକ୍ଟୋବରରେ ଫ୍ରାନ୍ସ କର୍ତ୍ତୃପକ୍ଷ ରିଲାଏନ୍ସଠାରୁ ୭.୩ ନିୟୁତ ୟୁରୋ ଗ୍ରହଣ କରି ଟିକସ ମାମଲାର ସମାଧାନ କରିଦେଇଥିଲେ। 'ଲ ମନ୍ଦ'ର ଚାଞ୍ଚଲ୍ୟକର ରିପୋର୍ଟ ମୋଦି ସରକାରଙ୍କ ସହ ଅନିଲଙ୍କ ଘନିଷ୍ଠ ସମ୍ପର୍କର ବିଭିନ୍ନ ଦିଗକୁ ପଦାକୁ ଆଣିଛି।

ରାଫାଲ୍ ଯୁଦ୍ଧବିମାନ କ୍ରୟ ବିବାଦ ଉପରେ ଦୃଷ୍ଟି ପକାଇଲେ ଅନେକ ଜଟିଳ ତଥ୍ୟ ସାମ୍ନାକୁ ଆସୁଛି। ଉପା ସରକାର ଅମଳରେ ପ୍ରତିଟି ରାଫାଲ୍ ଯୁଦ୍ଧବିମାନ ୫୨୬ କୋଟି ଟଙ୍କାରେ କିଣାଯିବା ଲାଗି କଥାବାର୍ତ୍ତା ହୋଇଥିବା ଖବର ପ୍ରକାଶ ପାଇଥିଲା। ପରବର୍ତ୍ତୀ ସମୟରେ ଭାଜପା କ୍ଷମତାସୀନ ହେବା ପରେ ଗୋଟିଏ ଯୁଦ୍ଧବିମାନର କିଣା ଦାମ୍ ହଠାତ୍ ବୃଦ୍ଧି ପାଇ ୧୬୭୦ କୋଟି ଟଙ୍କାରେ ପହଞ୍ଚିଥିଲା। କଂଗ୍ରେସ ଅଭିଯୋଗ କରିଛି ଯେ, ଉକ୍ତ ବିମାନର ମୂଲ୍ୟ ବଢ଼ା ଯାଇଥିବାରୁ ଏଥିରେ ବଡ଼ ଧରଣର ଦୁର୍ନୀତି ଘଟିଛି। ଉଲ୍ଲେଖଯୋଗ୍ୟ, ଏହି ଚୁକ୍ତି ବେଳେ ଭାରତର ରାଷ୍ଟ୍ରାୟତ୍ତ ଯୁଦ୍ଧବିମାନ ନିର୍ମାଣକାରୀ ସଂସ୍ଥା ହିନ୍ଦୁସ୍ଥାନ ଏରୋନଟିକ୍ସ ଲିମିଟେଡ୍ (ହାଲ୍) ସହିତ ଫ୍ରାନ୍ସର ଡାସଲ୍ଟ ଆଭିଏଶନ୍ସର ବହୁ ପର୍ଯ୍ୟାୟରେ ଆଲୋଚନା ହୋଇଥିଲା। ହାଲ୍‌ର ଯୁଦ୍ଧବିମାନ ତିଆରିର ଦୀର୍ଘବର୍ଷର ଅଭିଜ୍ଞତା ଥାଇ ମଧ୍ୟ ତରବରିଆ ଏହାକୁ ହଟାଇ ଅଧିକ ଖର୍ଚ୍ଚରେ ଅନିଲଙ୍କ 'ରିଲାଏନ୍ସ ଡିଫେନ୍ସ'କୁ କାମ ମିଳିବା ସ୍ୱାଭାବିକ ଭାବେ ଅନେକ ପ୍ରଶ୍ନ ଉଠାଇଛି। ରିଲାଏନ୍ସ ଡିଫେନ୍ସ କମ୍ପାନୀକୁ ରାଫାଲ୍ ନିର୍ମାତା ଡାସଲ୍ଟ ଆଭିଏଶନ୍ସ କମ୍ପାନୀର ଅଫସେଟ୍ ପାର୍ଟନର ଚୟନ କରାଯାଇଥିବାରୁ ଚୁକ୍ତି ବେଳେ ଆର୍ଥିକ ଅନିୟମିତତା ଘଟିଥିବା କୁହାଯାଉଛି। ସବୁଠାରୁ କୌତୂହଳର ବିଷୟ ଯେ, ରାଫାଲ୍ ଚୁକ୍ତିର ମାତ୍ର ୧୫ ଦିନ ପୂର୍ବରୁ ରିଲାଏନ୍ସ ଡିଫେନ୍ସ ଗଢ଼ି ଉଠିଥିଲା। ଏଭଳିସ୍ଥଳେ ଯୁଦ୍ଧବିମାନ ତିଆରିର ଅଭିଜ୍ଞତା ଅର୍ଜନ କରି ନ ଥିବା କମ୍ପାନୀକୁ ଡାସଲ୍ଟ ଆଭିଏଶନ ଚୟନ କରିବା ବେଳେ ରାଜନୈତିକ ହସ୍ତକ୍ଷେପ ନିଶ୍ଚିତ ଭାବେ ରହିଥିବା ବୁଝିହେଉଛି।

ପ୍ରତିରକ୍ଷା ଦେଶର ଏକ ସମ୍ବେଦନଶୀଳ କ୍ଷେତ୍ର। ମୋଦି ସରକାର ବାରମ୍ବାର ପ୍ରତିରକ୍ଷା କ୍ଷେତ୍ରକୁ ସୁଦୃଢ଼ କରିବାକୁ ଚାହୁଁଥିବା କହିଆସୁଛି। ସେନା ଓ ସୈନ୍ୟଙ୍କୁ ଉପଯୁକ୍ତ ଯୁଦ୍ଧ ସରଞ୍ଜାମ ଯୋଗାଇ ସଶକ୍ତ କରିବାର ସ୍ଲୋଗାନ୍ ଦିଆଯାଉଛି। ଏପରିସ୍ଥଳେ ଅନଭିଜ୍ଞ କମ୍ପାନୀକୁ ମଝିରେ ପୂରାଇ ପ୍ରତିରକ୍ଷା ଖର୍ଚ୍ଚ ବଢ଼ାଇବା ପଛରେ କ'ଣ କାରଣ ଅଛି ତାହା ସମସ୍ତେ ଜାଣିବାକୁ ଇଚ୍ଛୁକ। କେବଳ ସେତିକି ନୁହେଁ, ଗତ କିଛିବର୍ଷ ହେବ ଅନିଲଙ୍କ ବ୍ୟବସାୟିକ ସାମ୍ରାଜ୍ୟ କ୍ଷତିରେ ଚାଲୁଥିବାରୁ ଯେଭଳି ହେଉ ପଛେ ତାଙ୍କୁ ବଞ୍ଚାଇ ରଖିବାକୁ ଯାଇ ତାଙ୍କ 'ରିଲାଏନ୍ସ ଆଟ୍ଲାଣ୍ଟିକ୍ ଫ୍ଲାଗ୍ ଫ୍ରାନ୍ସ' କମ୍ପାନୀକୁ ଫ୍ରାନ୍ସ ସରକାର ୧୪୩.୭ ନିୟୁତ ୟୁରୋ ଟିକସ ଛାଡ଼ କରିବାରେ ଭାଜପା ସରକାର ମୁଖ୍ୟ ଭୂମିକା ଗ୍ରହଣ କରିଛନ୍ତି ବୋଲି କୁହାଯାଉଛି। ଏଥିରୁ ବୁଝିବାକୁ ହେବ ଯେ, ରିଲାଏନ୍ସ ଡିଫେନ୍ସକୁ ସିଧାସଳଖ ଓ ପରୋକ୍ଷରେ ରିଲାଏନ୍ସ ଆଟ୍ଲାଣ୍ଟିକ୍ ଫ୍ଲାଗ୍ ଫ୍ରାନ୍ସକୁ ଆର୍ଥିକ ସୁବିଧା ଦେଇ ଭାଜପା ପକ୍ଷପାତିତାର ନୂଆ ଏକ ଦୃଷ୍ଟାନ୍ତ ସୃଷ୍ଟି କରିଛି। ଯେଉଁ ଦେଶରେ କ୍ରୋନି କ୍ୟାପିଟାଲିଜିମ୍ ବା ସରକାର ଓ ବ୍ୟବସାୟିକ ଗୋଷ୍ଠୀ ମଧ୍ୟରେ ଉତ୍ତମ ସମ୍ପର୍କ ସ୍ଥାପନ ହୋଇଥାଏ, ସେଠାରେ ଦୁର୍ନୀତି ହେବା ଅବଶ୍ୟମ୍ଭାବୀ। ପୂର୍ବରୁ ଉପା ସରକାର ବିଭିନ୍ନ ପ୍ରକାର ଦୁର୍ନୀତିରେ ବୁଡ଼ି ରହିଥିବା ଲୋକେ ଅନୁଭବ କରିବା ପରେ ତାକୁ ପ୍ରତ୍ୟାଖ୍ୟାନ କରିଥିଲେ। ମୋଦି ସରକାର ଉପାର ଦୁର୍ନୀତି ବିରୋଧୀ ନାରା ଦେଇ କ୍ଷମତାକୁ ଆସିଥିଲା। ଏବେ ଭାଜପା ସରକାରର ୫ ବର୍ଷର କାରନାମା ଗୋଟିଏ ପରେ ଗୋଟିଏ ଲୋକଲୋଚନକୁ ଆସିଲାଣି। ଏସବୁକୁ ଦେଖିଲେ ଲାଗୁଛି ଯେ, ଭୋଟର ଏବେ ଫୁଟିଲା ପାଣି ଓ ତତଲା ତାୱା ମଝିରେ ଅଟକି ଯାଇଛନ୍ତି।

## ଏଇ ଭାରତରେ

ଗୋଟିଏ ଗାଁରେ ଦୁଇଟି ରାଜ୍ୟର ଲୋକ ବାସ କରୁଛନ୍ତି। ଏ କଥା ଆଶ୍ଚର୍ଯ୍ୟ ଲାଗୁଥିଲେ ମଧ୍ୟ ସତ୍ୟ। ଏପରି ଏକ ଚିତ୍ର ଦେଖିବାକୁ ମିଳିଛି ହରିୟାଣାରେ। କାରଣ ଏହି ଗାଁ ସହିତ ଦୁଇଟି ରାଜ୍ୟର ସୀମା ସଂଲଗ୍ନ ହୋଇରହିଛି। ଗାଁର ଗୋଟିଏ ମୁଣ୍ଡରେ ହରିୟାଣା ରାଜ୍ୟର ଭୋଟର ଥିବାବେଳେ ଅନ୍ୟ ପଟେ ଉତ୍ତରପ୍ରଦେଶ ଭୋଟର ରହିଛନ୍ତି। ଏହା ହେଉଛି ଯମୁନା ନଗର ଅନ୍ତର୍ଗତ ଘୋଡୋ ପିପଲି ଗ୍ରାମ। ଉକ୍ତ ଗାଁରେ ହରିୟାଣାର ୨୫୦ ପରିବାର ବାସ କରୁଥିବାବେଳେ ଉତ୍ତରପ୍ରଦେଶର ୩୫ ପରିବାର ରହୁଛନ୍ତି। ଏଠାରେ ହରିୟାଣା ଭୋଟରଙ୍କ ସଂଖ୍ୟା ୧୪ଶହ ଥିବାବେଳେ ଉତ୍ତରପ୍ରଦେଶର ଭୋଟର ଅଛନ୍ତି ୧୫୦। ଗାଁରେ ୮୦ ପ୍ରତିଶତ ଲୋକ ଗୁଜ୍ଜର ସମ୍ପ୍ରଦାୟର ହୋଇଥିବାବେଳେ ୧୮ ପ୍ରତିଶତ ମଲ୍ଲ ଏବଂ ୨ ପ୍ରତିଶତ ଅନ୍ୟ ସମ୍ପ୍ରଦାୟର ଲୋକ ବାସ କରନ୍ତି। ଗାଁ ଲୋକଙ୍କର ମୁଖ୍ୟ ଜୀବିକା ହେଉଛି ଚାଷ। ସେମାନଙ୍କର ବିଭିନ୍ନ ଅଭାବ ଅସୁବିଧା ଦୂର କରିଥାଆନ୍ତି ଏହି ଦୁଇ ରାଜ୍ୟ। ଏହି ଗାଁର ଲୋକେ ମିଳିମିଶି ସରପଞ୍ଚ ଚୟନ କରନ୍ତି। ଏଠାରେ ଦୁଇ ରାଜ୍ୟ ସରକାରଙ୍କ ପକ୍ଷରୁ ବିକାଶ ମୂଳକ କାର୍ଯ୍ୟ କରାଯାଏ ବୋଲି ସରପଞ୍ଚ ସୁମିତ୍ ସିଂ ସୂଚନା ଦେଇଛନ୍ତି।

## su|do|ku ସୁ–ଡୋ–କୁ

| | | | | | | | | | | | | | | |
|---|---|---|---|---|---|---|---|---|---|---|---|---|---|---|
| E | D | | | | | | | | | B | 1 | C | | 2 |
| 4 | | | 6 | B | | | | | 7 | | | | 0 | |
| | | | | | | E | A | 0 | | | 8 | | | D |
| | 5 | 2 | | 3 | | 9 | | 8 | C | | | | A | |
| | 7 | | | | | | | 4 | | 6 | 3 | | 5 | E |
| | 9 | 4 | 5 | | | | 8 | 2 | | | | | 1 | |
| 3 | C | | | | | | | | | | | | | |
| 7 | | 5 | | 8 | | | | | | | | 9 | | 0 |
| | 8 | | | | | A | 0 | | 9 | | 6 | | | |
| 2 | | | | | | 4 | 6 | | D | | 0 | | | A |
| 5 | | C | | A | | | 7 | | | 0 | | | | 4 |
| | 2 | | | | | | | | 1 | 3 | B | | | |
| | | B | | D | | | | 6 | A | | | | E | |
| | | 7 | 1 | | | | 2 | | | | 4 | D | | C |
| 6 | A | | E | 7 | | | | | | 5 | C | 1 | 3 | |

ଏହାର ଉତ୍ତର ଆସନ୍ତାକାଲି ପ୍ରକାଶ ପାଇବ

ଉପରେ ପ୍ରଦତ୍ତ ସୁଡୋକୁର ଏପରି ସମାଧାନ କରିବାକୁ ହେବ, ଯେପରି ପ୍ରତ୍ୟେକ ଧାଡ଼ି, ସ୍ତମ୍ଭ ଓ ଆୟତାକାର ବାକ୍ସ ଭିତରେ ୦ରୁ ୯ ପର୍ଯ୍ୟନ୍ତ ଅଙ୍କ ଓ A ରୁ E ପର୍ଯ୍ୟନ୍ତ ଇଂଲିଶ ଲିପି ରହିବ।

| | | | | | | | | | | | | | | |
|---|---|---|---|---|---|---|---|---|---|---|---|---|---|---|
| D | 4 | 5 | B | 7 | 1 | 2 | 6 | 3 | A | 0 | E | 8 | 9 | C |
| 3 | B | 1 | 5 | 0 | 9 | E | 7 | D | 8 | 4 | C | 6 | 2 | A |
| 2 | A | 8 | 4 | C | 6 | 0 | 1 | B | 7 | 3 | 9 | E | D | 5 |
| 0 | 6 | 7 | 2 | E | 8 | C | A | 9 | 5 | 1 | D | B | 3 | 4 |
| C | E | 9 | 3 | A | D | 8 | 4 | 5 | 2 | B | 6 | 1 | 0 | 7 |
| E | 3 | 4 | 9 | 6 | 7 | A | 0 | 2 | D | 8 | B | 5 | C | 1 |
| 9 | 2 | 6 | C | 4 | 0 | D | E | 8 | 1 | A | 5 | 7 | B | 3 |
| 1 | 5 | B | 8 | 2 | A | 7 | 9 | 4 | C | E | 3 | D | 6 | 0 |
| 8 | C | D | 1 | 5 | E | 3 | B | 6 | 4 | 7 | 0 | 2 | A | 9 |
| A | 7 | 0 | D | 3 | B | 1 | 5 | C | 6 | 9 | 2 | 4 | E | 8 |
| 7 | 0 | 2 | E | D | 4 | 9 | C | A | B | 5 | 1 | 3 | 8 | 6 |
| 4 | 1 | C | 7 | 8 | 2 | 6 | 3 | E | 9 | D | A | 0 | 5 | B |
| 6 | 8 | A | 0 | B | 3 | 5 | 2 | 7 | E | C | 4 | 9 | 1 | D |
| B | 9 | E | A | 1 | 5 | 4 | D | 0 | 3 | 6 | 8 | C | 7 | 2 |
| 5 | D | 3 | 6 | 9 | C | B | 8 | 0 | 1 | 2 | 7 | A | 4 | E |

ଗତକାଲିର ଉତ୍ତର

# ମଣିଷର ମାଙ୍କଡ଼ଡିଆଁ



ମନ–ମାନଚିତ୍ର

ଡ. ନରହରି ବେହେରା

ମାଙ୍କଡ଼ଡିଆଁ ଶବ୍ଦଟାକୁ ଆଜିକାଲିକା ଥୋକେ ପାଠୁଆ ପିଲା ବୁଝିପାରିବେନି, ଏ କଥା ଆମ୍ଭେ ହଲପ୍ ଦେଇ କହିପାରିବୁ। ତେଣୁ ଆମ୍ଭେ ବେଫିକର କହିରଖୁଛୁ, ମମିମାନେ ଯେମନ୍ତ କୋଡ଼ିଏକୁ ଟ୍ୱେଣ୍ଟି ବୋଲି ବୁଝାଇ ଆତ୍ମତୃପ୍ତିରେ ମୁରୁକୁନ୍ଦିଆ ହସ ହସିଥାନ୍ତି, ତେମନ୍ତ ମାଙ୍କଡ଼ଡିଆଁ ଶବ୍ଦଟାକୁ ଜମ୍ପ୍ ଅଫ୍ ମଙ୍କି ବୋଲି କହି ବୁଝାଇପାରିଲେ ଆମ୍ଭ ଆଇଡିଆଟାକୁ ସେମାନେ ଠିକ୍‌ଭାବେ ହଜମ କରିପାରିବେ। ଏଥର ଆମ୍ଭେ ଅସଲ କଥାଟାକୁ ଓକାଳିବାକୁ ଯାଉଛୁ। ସେଦିନ ମିଲୁ ଆମ୍ଭକୁ ମଗଜ ଗରମ କଲାପରିକା ପ୍ରଶ୍ନଟିଏ ପଚାରିଲା– ସତରେ କ'ଣ ଆମ ପୂର୍ବପୁରୁଷ ମାଙ୍କଡ଼ ଥିଲେ? ପ୍ରଶ୍ନଟାର କି ଉତ୍ତର ଦେବୁ ଭାବିହେଲୁ। ଆମ୍ଭେ ସିନା ବହିରେ ପଢ଼ିଥିଲୁ, କିନ୍ତୁ ମାଙ୍କଡ଼ରୁ ମଣିଷ ହେବାର ଠୋସ୍ ପ୍ରମାଣ ତ ଆମ୍ଭ ପାଖରେ ନାହିଁ। ଆମ ପୂର୍ବପୁରୁଷମାନେ ଯଦି ମାଙ୍କଡ଼ ଥିଲେ, କିଛି ଅନାଡ଼ି ମାଙ୍କଡ଼ କାହିଁକି ମଣିଷ ନ ହୋଇ ସେମିତି ରହିଗଲେ? ସେ ମାଙ୍କଡ଼ ରହିଲେ ବୋଲି ସିନା ଆଜି ଏ ପ୍ରଶ୍ନକୁ ହାବୁଡ଼ିବାକୁ ପଡୁଛି। ଏ ହାଲତରେ ଉତ୍ତର ଖୋଜୁ ଖୋଜୁ ମିଲୁ ପୁଣି ପଚାରିଲା– ଯଦି ମାଙ୍କଡ଼ ଆମର ପୂର୍ବପୁରୁଷ ଥିଲେ, ତେବେ ଆମେ ତାଙ୍କପରି ଡିଆଁ ମାରିପାରୁନୁ କାହିଁକି? ଆମ୍ଭକୁ ଉତ୍ତରଟା ମିଳିଗଲା। ଆମ୍ଭେ ହସିଦେଇ କହିଲୁ– କିଏ କହିଲା, ମଣିଷ ମାଙ୍କଡ଼ଡିଆଁ ମାରିପାରେ ନାହିଁ ବୋଲି? ସେ ଜଳଜଳ ହୋଇ ଆମ୍ଭକୁ ଚାହିଁଲା। ଆମ୍ଭେ ବୁଝିଗଲୁ, ମାଙ୍କଡ଼ ପରି ମଣିଷ ଡେଇଁବାର ସେ ଦେଖିନି, ତେଣୁ କଥାଟାକୁ ଗ୍ରହଣ କରିପାରୁନାହିଁ। ଆମ୍ଭେ ସରଳ ଭାଷାରେ ବୁଝାଇବା ପାଇଁ ଚେଷ୍ଟା କଲୁ– ଡିଆଁଡେଇଁର ମାନସିକତା ଏ ମଣିଷର ରକ୍ତମାଂସରେ ମିଶିଯାଇଛି। ମାଙ୍କଡ଼ ଫଳ ଲୋଭରେ ଏ ଗଛରୁ ସେ ଗଛକୁ ଡେଇଁଥାଏ। ମାତ୍ର ହଜାର ହଜାର ବର୍ଷ ପୂର୍ବରୁ ମାଙ୍କଡ଼ରୁ ମଣିଷ ହୋଇଥିବା ଏ ମଣିଷର ଲୋଭ ଏତେ ବଢ଼ିଯାଇଛି ଯେ, ଦିନରାତି ଚାରିଆଡ଼େ ଖାଲି ମାଙ୍କଡ଼ ପରି ଡିଆଁ ମାରିବାରେ ବ୍ୟସ୍ତ ରହୁଛି। ମଣିଷ ମାଙ୍କଡ଼ ଭଳି ସିନା ଡାଳରୁ ଡାଳକୁ ଡେଇଁପାରିବନି, ମାତ୍ର ସେ ଡେଇଁବାର ଯୋଉ କଳା ହାସଲ କରିଛି ମାଙ୍କଡ଼ଙ୍କ ସାତପୁରୁଷ ବି ତା'ର ଟେର୍ ପାଇପାରିବେନି। ଶାରୀରିକ ଅପେକ୍ଷା ମାନସିକସ୍ତରରେ ମଣିଷ ସବୁବେଳେ ଅନ୍ୟକୁ ପଛରେ ପକାଇ ଡିଆଁ ମାରିବା ପାଇଁ ଯୁଗ ଯୁଗରୁ ଚେଷ୍ଟା କରିଆସିଛି। ଏହାର ଅନେକ ଉଦାହରଣ ଆମ ସମାଜରେ ଦେଖିବାକୁ ମିଳେ।

ପୁଞ୍ଜିଲାଲ ମେହେର ଗୋଟିଏ ମହାବିଦ୍ୟାଳୟର ଅଧ୍ୟକ୍ଷ ହେବା ପାଇଁ ଚେଷ୍ଟା କରିଆସୁଥିଲେ, ମାତ୍ର ତାହା ପୂରଣ ହେଲାନାହିଁ। ଅଧ୍ୟକ୍ଷା ହେଲେ ଅନ୍ୟ ଜଣେ ଅଧ୍ୟାପିକା। ବାବୁ ମେହେରଙ୍କର ପିତ୍ତ ଉଠିଗଲା। ଧରିନେଲେ, ଚୌକି ଡେଇଁବାକୁ ହେଲେ ଏ ଅଧ୍ୟାପିକାଙ୍କୁ ହଟାଇବାକୁ ପଡ଼ିବ। ଅଧ୍ୟାପିକାଙ୍କ ପୁଅ ବାହାଘରକୁ ବୋମା ପାର୍ସଲ ପଠାଇ ତାଙ୍କ ବଂଶ ନିପାତ କରିବାକୁ ଚେଷ୍ଟା କଲେ। ଭଗବାନ ରକ୍ଷା କଲେ ବୋଲି ଅଧ୍ୟାପିକା ବଞ୍ଚିଗଲେ। ଚୌକିରୁ ଚୌକିକୁ ଡେଇଁବାର ପୁଞ୍ଜୀଭୂତ ଆଶା ମଉଳିଗଲା ପୁଞ୍ଜିଲାଲଙ୍କର। ଚୌକି ତ ମିଳିଲା ନାହିଁ, ଏବେ ମୁଠେ ମୁଠେ ହଳଦିଆ ଭାତ ମିଳୁଛି। ମଣିଷ ଉପରକୁ ଡିଆଁ ମାରିବାର ଲାଳସା କେତେ ମାରାତ୍ମକ, ତାହା ଏହି ଘଟଣା ସୂଚାଇଦିଏ।

ନିର୍ବାଚନ ପାଖେଇ ଆସିଲେ ନେତାମାନଙ୍କର ଏହି ମାଙ୍କଡ଼ଡିଆଁର ଅନେକ ଦୃଶ୍ୟ ଦେଖିବାକୁ ମିଳେ। ଚୌକି ଲୋଭରେ ସେମାନେ ଯେମିତି ଉଦଣ୍ଡିଆ ହୋଇ ଏ ଦଳରୁ ସେ ଦଳକୁ ଡିଆଁ ମାରନ୍ତି ତାହା ଦେଖିଲେ ମନେହୁଏ, ସତେଯେମିତି ଡିଆଁ ମାରିବାର ଷୋଳକଳା ଏମାନେ ମାଙ୍କଡ଼ଙ୍କଠାରୁ ନେଇ ଆସିଛନ୍ତି। ଯୋଉ ତୁଣ୍ଡରେ ବିରୋଧୀ ଦଳକୁ ସଉତୁଣୀ ପରିକା ବର୍ଷ ବର୍ଷ ଧରି ଗାଳି ଦେଉଥାନ୍ତି, ରାତିକ ଭିତରେ ସେହି ଦଳକୁ କୁଦାମାରି ପ୍ରଶଂସାରେ ସେମାନଙ୍କୁ ପୋତିପକାନ୍ତି। ଆମପରି ଭକୁଆ ମଣିଷ ସେ ତୁଣ୍ଡ ଆଉ ମୁଣ୍ଡକୁ ଖାଲି ଦେଖୁଥାନ୍ତି। ଏହି ଡିଆଁ ମୂଳରେ ଅଛି କେବଳ କ୍ଷମତାର ଲୋଭ। ଏ କଥା ସତ ଯେ, ଉପରକୁ ଡେଇଁବାର ଲାଳସା ମଣିଷର ଅନ୍ତର୍ନିହିତ ଗୁଣ। ଏହି ଗୁଣ ମଣିଷକୁ ଆଗକୁ ନେବା ପାଇଁ ପ୍ରେରଣା ଦିଏ। କିନ୍ତୁ ଏ ଲାଳସା ଯେତେବେଳେ ଲୋଭ, କ୍ରୋଧ ଓ ପ୍ରତିହିଂସାରେ ପରିଣତ ହୁଏ, ସେତେବେଳେ ପରିସ୍ଥିତି ଭୟଙ୍କର ହୋଇପଡ଼େ। ଦୁଇ ବୁଢ଼ା ହନୁ ଲଢ଼େଇ କଲେ ସେଠାକାର ଗଛଲଟା ସବୁକିଛି ଯେମିତି ନଷ୍ଟ ହୋଇଯାଏ, ସେମିତି ଥରେ ଏ ଲଢ଼େଇ ଆରମ୍ଭ ହେଲେ ଧନଜୀବନ ସବୁ ବିପନ୍ନ ହୋଇଯାଏ। ଏବେ ଘସିପୁରାର ପୂର୍ବତନ ବିଧାୟକଙ୍କୁ ଯେପରି ନୃଶଂସ ଭାବେ ହତ୍ୟା କରାଯାଇଛି, ତାହା ଏହି ଡିଆଁଡେଇଁ ପ୍ରବୃତ୍ତିର ହିଂସ୍ରରୂପର କରୁଣ ପରିଣତିକୁ ସୂଚାଇ ଦେଉଛି।

କ୍ଷମତା, ଭୂମି, ନାରୀ ପ୍ରଭୃତି ଲାଭ ପାଇଁ ଅନ୍ୟକୁ ଅତିକ୍ରମ କରିବା ଲାଗି ଅନେକ ଘଟଣା ପୁରାଣ ଇତିହାସରେ ଭରି ରହିଛି। ଅନେକ ସମୟରେ ଡିଆଁ ମାରୁ ମାରୁ ଏହି ପୁରୁଷମାନେ ଶେଷରେ ମାଟି କାମୁଡ଼ି ପଡ଼ିଥିବାର ନଜିର ମଧ୍ୟ ଅଛି। ରାଜ୍ୟରୁ ପାଞ୍ଚଖଣ୍ଡ ଗାଁ ଦେଇଥିଲେ କଥା ସରିଥାନ୍ତା। ମାତ୍ର ଏକଛତ୍ରବାଦୀ ହେବା ନିଶାରେ ଦୁର୍ଯ୍ୟୋଧନ କେବଳ ଡେଇଁବାରେ ଲାଗିଲେ। ଏହାର ଶେଷ ପରିଣତି ହେଲା ସବଂଶ ନାଶ। ଜାର୍ ଦ୍ୱିତୀୟ ନିକୋଲାସ ଥିଲେ ବିଶାଳ ଭୂଖଣ୍ଡର ଶାସକ। ସେ ସବୁବେଳେ ଅଧିକ କ୍ଷମତା ଏବଂ ସାମ୍ରାଜ୍ୟର ବିସ୍ତାର ପାଇଁ ଅହରହ ଯୁଦ୍ଧ ଏବଂ କ୍ରୂରତାକୁ ଆୟୁଧ କରି ଡିଆଁ ମାରିଲେ। ତେଣୁ ବିଦ୍ରୋହର ନିଆଁ ଜଳିଲା। ବିଦ୍ରୋହୀମାନେ ତାଙ୍କୁ ହତ୍ୟାକରି ଦେହଟାକୁ ଖଣ୍ଡ ଖଣ୍ଡ କରିଦେଲେ। ସେହିପରି ନିଜର ପ୍ରଭୁତ୍ୱ ଜାହିର କରିବା ଉଦ୍ଦେଶ୍ୟରେ ଖାଲି ଡେଇଁବାକୁ ଲାଗିଥିଲେ ହିଟ୍ଲର। ନିଜ ଅହଂକାରକୁ ପ୍ରତିଷ୍ଠା କରିବା ପାଇଁ ଦ୍ୱିତୀୟ ବିଶ୍ୱଯୁଦ୍ଧର ସେ ମହାନାୟକ ସାଜିଥିଲେ। ଉଚ୍ଚକୁ ଡେଇଁବାକୁ ଚେଷ୍ଟା କରୁଥିବା ଏ ହିଟ୍ଲର ଶେଷରେ ପଟାସିୟମ୍ ସାୟାନାଇଡ୍ ଖାଇ ଆତ୍ମହତ୍ୟା କଲେ। ତାଙ୍କର ଏତେ ଡିଆଁଡେଇଁରୁ କେବଳ ରକ୍ତପାତ ଓ ହତାଶାବୋଧ ହିଁ ସାର ହେଲା।

ବିଶ୍ୱରେ ନିଜ ସାମ୍ରାଜ୍ୟର ପରିସର ବୃଦ୍ଧି କରିବା ପାଇଁ ଆଲେକ୍‌ଜାଣ୍ଡାର ରାଜ୍ୟରୁ ରାଜ୍ୟକୁ ଡେଇଁ ବୁଲିଲେ। ଏ କ୍ଷମତାର ଲୋଭ ତାଙ୍କୁ ଏମିତି ଅନ୍ଧ କରିଦେଲା ଯେ ଅହର୍ନିଶ ସେ ଯୁଦ୍ଧରେ ମାତି ରହିଲେ। ସେ ଯେତେବେଳେ ଜ୍ୱରାକ୍ରାନ୍ତ ହୋଇ ନିଜର ଅନ୍ତିମ ମୁହୂର୍ତ୍ତକୁ ଅନୁଭବ କରିପାରିଲେ, ସେତେବେଳେ ସମଗ୍ର ବିଶ୍ୱ ତାଙ୍କୁ ଅନ୍ତଃସାରଶୂନ୍ୟ ମନେହେଲା। ଅତ୍ୟନ୍ତ ହତାଶାବୋଧରେ ସେ ସମସ୍ତଙ୍କୁ କହିଲେ– 'ଆସିଥିଲି ଖାଲି ଗଲି ଖାଲି ହାତେ।' ଯେତେ ଡେଉଁଛ ଡେଉଁଥାଅ, ମୁକୁଟ ପିନ୍ଧିବା ପାଇଁ ନରହତ୍ୟା, ଗଣହତ୍ୟା ଯେତେ ବହପ ଦେଖାଉଥାଅ, ଶେଷରେ ଏହି ଖାଲିହାତରେ ଯିବାକୁ ପଡ଼ିବ– ଏହି ମହାସତ୍ୟକୁ ସେ ଉଖାରିଦେଲେ ସମସ୍ତଙ୍କ ଆଗରେ।

ଶ୍ରୀରାମଙ୍କ ଅଯୋଧ୍ୟା ପ୍ରତ୍ୟାବର୍ତ୍ତନ ଅବସରରେ ରାଜ୍ୟରେ ଭୋଜିଭାତର ଆୟୋଜନ ହେଉଥାଏ। ପଙ୍‌କ୍ତି ଭୋଜନର ଗୋଟିଏ ପାର୍ଶ୍ୱରେ ବସିଥାନ୍ତି ମାଙ୍କଡ଼ ଦଳ। ଗୋଟିଏ ଛୁଆ ମାଙ୍କଡ଼ ହାତରୁ ଶିମ୍ବ ମଞ୍ଜିଟିଏ ଛିଟିକି ପଡ଼ିଲା। ସାଧାରଣ ଶିମ୍ବ ମଞ୍ଜିର ଏତେ ବହପ ଯେ ସେ ଡେଇଁପଡ଼ିବ! ଛୁଆ ମାଙ୍କଡ଼କୁ ଏ କଥା ବହୁତ ବାଧିଲା। ସେ କୁଦା ମାରିଲା। ପାଖରେ ବସିଥିବା ଟୋକା ମାଙ୍କଡ଼କୁ ଛୁଆ ମାଙ୍କଡ଼ର ବଡ଼ପଣିଆ ଭଲ ଲାଗିଲା ନାହିଁ। ସେ ଛୁଆ ମାଙ୍କଡ଼ଠୁ ଅଧିକ ଆଗକୁ ଡେଇଁଲା। ଏହାପରେ ଚାଲିଲା ଡିଆଁଡେଇଁ କସରତ। କେହି ନିଜ ଅହଂକାରକୁ ଛାଡ଼ିଲେ ନାହିଁ। ମାଙ୍କଡ଼ମାନେ ଡିଆଁଡେଇଁ କରିବାରୁ ସବୁ ଖାଦ୍ୟ ନଷ୍ଟ ହୋଇଗଲା। ସମସ୍ତେ ଉପାସ ରହିଲେ ସିନା ମାତ୍ର ଡିଆଁଡେଇଁ ବନ୍ଦ ହେଲାନାହିଁ। ଏବେ ଆଧୁନିକ ମଣିଷର ଏ ମାଙ୍କଡ଼ଡିଆଁକୁ ଲକ୍ଷ୍ୟ କଲେ ମନେହେଉଛି, ସତେଯେମିତି ତ୍ରେତୟା ଯୁଗର ସେହି ମାଙ୍କଡ଼ମାନଙ୍କ ଡିଆଁ ମାରିବାର ପ୍ରବୃତ୍ତିଟାକୁ ଏ ମଣିଷ ନିଜ ଜିନ୍‌ରେ ଧରି ଜନ୍ମ ନେଇଛି। ସେହି ମାଙ୍କଡ଼ମାନଙ୍କର ତୁଚ୍ଛା ଅହମିକାକୁ ପୁଞ୍ଜିକରି ଆଜିପର୍ଯ୍ୟନ୍ତ ମଣିଷ ଡେଉଁଛି, ଖାଲି ଡେଉଁଛି। ଏ ଡିଆଁର ଶେଷ ନାହିଁ କି ଦୁଃଖଯନ୍ତ୍ରଣାର ଅନ୍ତ ନାହିଁ। ମଣିଷଠାରେ ମାଙ୍କଡ଼ ପ୍ରବୃତ୍ତିର ଏହାଠାରୁ ବଡ଼ ପ୍ରମାଣ ଆଉ କ'ଣ ଅଛି? ହେ ସୁଧୀଜନେ, ଅନ୍ୟକୁ ଧରାଶାୟୀ କରିବା ପାଇଁ ଆଉ କେତେଦିନ ତୁଚ୍ଛା ଅହମିକାକୁ ଧରି ଏମିତି ଡେଉଁଥିବେ? କାଳ ପରା ଆମକୁ ଚାହିଁଛି!

ବାସୁଦେବବାସ୍ୟମ୍, ଜଗନ୍ନାଥବିହାର, ବାଇପାସ୍,
ଭଦ୍ରକ, ମୋ–୭୯୭୮୯୦୩୫୦୯

# ମିଠାଫଳ ଓ ବିଷମଞ୍ଜି



ଉପେନ୍ଦ୍ର ବିଶ୍ୱାଳ

ବିଶ୍ୱର ସର୍ବବୃହତ୍ ଗଣତନ୍ତ୍ର ରାଷ୍ଟ୍ରରେ ବହୁ ପ୍ରତୀକ୍ଷିତ ଉଣେଇଶର ଏ ପରୀକ୍ଷା। ନିର୍ଣ୍ଣାୟକ ଏ ନିର୍ବାଚନରେ ନିହିତ ଭାରତର ଭାଗ୍ୟ ଓ ଭବିଷ୍ୟତ। ପାକିସ୍ତାନ, ଚାଇନା ସମେତ ଦେଶବିରୋଧୀ ଶକ୍ତିଗୁଡ଼ିକ ଅତି ଉତ୍କଣ୍ଠାର ସହିତ ପ୍ରତୀକ୍ଷା କରିଛନ୍ତି ପରିଣାମକୁ। ସ୍ୱାଭାବିକ ଭାବେ ସେମାନେ କେବେ ଚାହିଁବେ ନାହିଁ ଭାରତରେ ଏକ ସ୍ଥିର, ସ୍ୱଚ୍ଛ ଓ ବଳିଷ୍ଠ ସରକାର ଶାସନ କରୁ। କାରଣ ଦୁର୍ବଳ, ଅସ୍ଥିର ଓ ଦୁର୍ନୀତିଖୋର ସରକାରଟିଏ ରହିଲେ ତାଙ୍କ ପାଇଁ ସୁବିଧା ହେବ। ଏଣୁ ସାମ୍ପ୍ରତିକ ସ୍ଥିତିରେ ଦେଶ ପାଇଁ ଲୋଡ଼ା ଏକ ଦୃଢ଼ମନା, ଦୂରଦୃଷ୍ଟିସମ୍ପନ୍ନ ଶାସକ। ଲୋଡ଼ା, ଅତ୍ୟନ୍ତ ପରିଶ୍ରମୀ ଓ ପରୀକ୍ଷିତ ବ୍ୟକ୍ତିତ୍ୱ, ଯାହାଙ୍କର ଥିବ ରାଷ୍ଟ୍ର ପ୍ରତି ଅଙ୍ଗୀକାରବଦ୍ଧତା, ପ୍ରଚଣ୍ଡ ଦେଶଭକ୍ତି ଓ କୌଣସି ସମାଲୋଚନାକୁ ଖାତିର ନ କରି କିଛି କରି ଦେଖାଇବାର ଦୃଢ଼ ମାନସିକତା। ଏଣୁ ଆମର ଗୋଟିଏ ଗୋଟିଏ ଭୋଟ, ସମାଜ ଓ ରାଷ୍ଟ୍ର ପାଇଁ ଅତୀବ ମୂଲ୍ୟବାନ। ଆମର ମୂଲ୍ୟବାନ ଭୋଟଖଣ୍ଡିକ ଉପରେ ନିର୍ଭର କରୁଛି ରାଷ୍ଟ୍ରର ସୁରକ୍ଷା ଓ ସମୃଦ୍ଧି, ଗୌରବ ଓ ଗରିମା। ଲେଶମାତ୍ର ଲୋଭ ଓ ଲାଭର ଶିକାର ନ ହୋଇ ବିବେକକୁ ଜାଗ୍ରତ କରାଇବାକୁ ହେବ। ଠିକ୍ ନିଷ୍ପତ୍ତି ନେବାକୁ ହେବ। ଭୋଟ ଦେବା ପୂର୍ବରୁ ସ୍ୱଚ୍ଛ ହୃଦୟରେ ନିଜ ଅନ୍ତରାତ୍ମାକୁ ପଚାରିବା ଉଚିତ, ମୁଁ ଦେଶକୁ ଧୋକା ଦେଉନି ତ? ମିଥ୍ୟା ଆଶ୍ୱାସନାରେ ଭଳି ଭୁଲ୍ ନିଷ୍ପତ୍ତି ନେବା ଆତ୍ମଘାତୀ ସଦୃଶ। ଆମର ଭୁଲ୍ ନିଷ୍ପତ୍ତି ମାନେ ଭାରତବିରୋଧୀ ଶକ୍ତିକୁ ସମର୍ଥନ। ଜାତି, ଧର୍ମ, ଦେଶର ସ୍ୱାର୍ଥ ପାଇଁ ଧାଇ ପାନ୍ନା ନିଜର ବାଳୁତ ପୁତ୍ରକୁ ସମର୍ପି ଦେବାକୁ ପଛାଇ ନ ଥିଲେ। ବିଧର୍ମୀ, ଦେଶବିରୋଧୀ ଶକ୍ତିକୁ ସହାୟତା କରିଥିବା ଯୋଗୁ ଦେବଗଡ଼ର ସେନାପତିଙ୍କୁ ନବବିବାହିତା ସ୍ତ୍ରୀଜଣକ ମଧ୍ୟ ହତ୍ୟା କରିଥିଲେ। ପ୍ରଥମେ ଦେଶର ସ୍ୱାର୍ଥ, ତା' ପରେ ବ୍ୟକ୍ତିସ୍ୱାର୍ଥ। ବ୍ୟକ୍ତିଗତ ଶତ୍ରୁତା ଥିଲେ ବି ରାଷ୍ଟ୍ରୀୟ ସ୍ୱାର୍ଥ ଦୃଷ୍ଟିରୁ ଶତ୍ରୁକୁ ମଧ୍ୟ ଭୋଟ ଦେବା ଉଚିତ। ମିତ୍ର ହେଲେ ବି ରାଷ୍ଟ୍ରର ସ୍ୱାର୍ଥବିରୋଧୀ ହୋଇଥିଲେ ତାଙ୍କୁ ବର୍ଜନ କରାଯିବା ଉଚିତ। ପ୍ରଚଣ୍ଡ ଅଧ୍ୟାତ୍ମବାଦୀ ଓ ଶିବଭକ୍ତ ଥିଲେ ମଧ୍ୟ ରାଷ୍ଟ୍ରଦ୍ରୋହୀ ଜୟଚନ୍ଦ୍ର କ'ଣ ସମର୍ଥନଯୋଗ୍ୟ?

ଏପରି ବ୍ୟକ୍ତିଙ୍କୁ ଚୟନ କରିବା, ଯିଏ କି ଲୋଭୀ ନ ଥିବ କି ଭୋଗୀ ନ ଥିବ। ସ୍ୱାଭିମାନକୁ ସାଥୀ କରି ସରଳ ଜୀବନ ଜିଉଁଥିବ। ଉଚ୍ଚ ବିଚାର ଓ ସେବା ମନୋଭାବ ରହିଥିବ। ନିର୍ଦ୍ଧନ ହେଲେ ମଧ୍ୟ ପବିତ୍ର ହୃଦୟ ଥିବା ସଚ୍ଚୋଟ ବ୍ୟକ୍ତିମାନଙ୍କୁ ଆମେ ପ୍ରାଧାନ୍ୟ ଦେବା ଉଚିତ। କାରଣ ଏମାନେ ମଣିଷ ସମାଜର ଗୋଟିଏ ଗୋଟିଏ ଅମୂଲ୍ୟ ରତ୍ନ। ମନେପଡ଼େ ବିଶ୍ୱର ବିଶିଷ୍ଟ ବିଦ୍ୱାନ୍ ପ୍ଲାଟୋଙ୍କ ସୁଚିନ୍ତିତ ପରାମର୍ଶ– ''ଶାସକ ହେବାକୁ ଖୁବ୍ ଚାହୁଁଥିବା ଲୋକଙ୍କୁ ଶାସନର ଡୋରି ଦିଆ ନ ଯାଇ, ଆଦୌ ଚାହୁଁ ନ ଥିବା ଲେଖକ ଅବା ଦାର୍ଶନିକ ଅବା ଯୋଗୀମାନଙ୍କୁ ଦିଆଗଲେ ସମାଜର ମଙ୍ଗଳ ସାଧିତ ହେବ।'' ମିଠାଫଳ ଖାଇବାକୁ ହେଲେ ମିଠାଗଛର ଚାରା ହିଁ ରୋପଣ କରିବାକୁ ହୁଏ। ବିଷମଞ୍ଜି ବୁଣି ଅମୃତଫଳ ଆଶା କରିବା ନିରର୍ଥକ। ସୁସ୍ଥ ସମାଜଟିଏ ପାଇବାକୁ ହେଲେ ସଜ୍ଜନମାନଙ୍କୁ ଚୟନ କରିବା ଉଚିତ। ଦୁଷ୍ଟାତ୍ମାମାନେ କ୍ଷମତା ପାଇଲେ, ସମାଜ ବିଷାକ୍ତ ହୋଇଉଠିବ। ଭ୍ରଷ୍ଟ ବ୍ୟକ୍ତିଙ୍କ ମନୋଲୋଭା କଥାରେ ଭାସିଯାଇ ଆମେ ଭୁଲ୍ ନିଷ୍ପତ୍ତି ନେଉଥିବା ଯୋଗୁ ସମାଜରେ ଦୁର୍ଗତି ବଢ଼ି ବଢ଼ି ଚାଲିଛି। ଛବିରାଣୀଙ୍କଠାରୁ ଅଞ୍ଜନା, ଇତିଶ୍ରୀଠାରୁ ବେବିନାଙ୍କ ଭଳି ନାରୀରତ୍ନମାନେ ନାନାଦି ନିର୍ଯାତନାର ଶିକାର ହେଉଛନ୍ତି। କୁହାଯାଏ ପୃଥିବୀ ଏକ ଭୟଙ୍କର ସ୍ଥାନ, ଯେଉଁମାନେ ଖରାପ କାମ କରନ୍ତି ସେମାନଙ୍କ ପାଇଁ ଯେତିକି ନୁହେଁ, ସେମାନଙ୍କୁ ପ୍ରତିରୋଧ ନ କରି ପରୋକ୍ଷରେ ପ୍ରୋତ୍ସାହିତ କରୁଥିବା ବ୍ୟକ୍ତିମାନଙ୍କ ପାଇଁ। ବେଶ୍ ଭଲ ସଂଖ୍ୟାରେ ଥିବା ଭଲ ଲୋକଙ୍କ ଉଦାସୀନତାର ସୁଯୋଗରେ ଅଳ୍ପ ସଂଖ୍ୟାରେ ଥିବା ଦୁଷ୍ଟ ଲୋକମାନେ ସମାଜକୁ ଉତ୍ପୀଡ଼ନ କରିଥାନ୍ତି। ଶିକ୍ଷିତ, ସଚେତନ ବ୍ୟକ୍ତିମାନେ ଭୋଟଦାନରୁ ବିରତ ରହି ପରୋକ୍ଷରେ ଅଯୋଗ୍ୟ ବ୍ୟକ୍ତିମାନଙ୍କୁ ଜିତାଇବାରେ ସହଯୋଗ କରିଥାଆନ୍ତି। ଆମଠି ଉପଲବ୍ଧ ଥିବା ଶ୍ରେଷ୍ଠ ବିକଳ୍ପକୁ ଚୟନ ନ କରି 'ନୋଟା'ର ଉପଯୋଗ କରିବା ଅଦୂରଦର୍ଶିତାର ପରିଚୟ ବୋଲି ମନେ ହୁଏ। ନିର୍ବାଚନ ମାନେ ହିଁ ତ ଶ୍ରେଷ୍ଠ ଚୟନ। ନିର୍ବାଚନ ମାନେ ନୁହେଁ ନୀରବତା ଅବା ନିଷ୍ପତ୍ତିର ନିର୍ବାସନ।

ଭୋଟର ଥରେ ହୁଡ଼ିଲେ ପୁଣି ୫ବର୍ଷକୁ ଅପେକ୍ଷା। ଏଣୁ ବୁଝି ବିଚାରି ସମୁଚିତ ନିଷ୍ପତ୍ତି ନେବା ନିହାତି ଆବଶ୍ୟକ। ସ୍ୱାର୍ଥାନ୍ଧ, ଦୁରାଚାରୀମାନଙ୍କୁ ଭୋଟ ମାଧ୍ୟମରେ କ୍ଷମତାସୀନ କଲେ ସମାଜକୁ ସେମାନେ କଣ୍ଟକିତ କରି ଚାଲିବେ। ଭଗବାନରୂପୀ ଭୋଟରମାନଙ୍କୁ ତ କ୍ଷମତା ଆଶାୟୀମାନେ ଗୁହାରି କରିବେ। କାକୁସ୍ଥ ହୋଇ ଭୋଟ ଭିକ୍ଷା କରିବେ। ମାତ୍ର ବୁଝି ବିଚାରି ଭୋଟ ନ ଦେଲେ ସମାଜ ସତ୍ୟାନାଶକୁ ସାମ୍ନା କରିବ।

ଏବେ ଆମ ସାମ୍ନାରେ ଦୁଇଟି ରାସ୍ତା। ଠିକ୍ ନିଷ୍ପତ୍ତି ନେଇ ଗୋଟିଏକୁ ବାଛିବା। ସମାଜକୁ ସଜାଡ଼ିବା ନା ବିଗାଡ଼ିବା? ସୁନ୍ଦର ସମାଜଟିଏ ଲୋଡ଼ା ନା ଅସୁନ୍ଦର, ଅନାଚାରଭରା ସମାଜ? ଦେଶର ସୁରକ୍ଷା, ସମୃଦ୍ଧି ନା ବିପତ୍ତି? ସ୍ଥିର ବଳିଷ୍ଠ ସରକାର ନା ଦୁର୍ବଳ ଅସ୍ଥାୟୀ ସରକାର? ସଚ୍ଚୋଟ, ଦେଶପ୍ରେମୀ ବ୍ୟକ୍ତିମାନଙ୍କୁ ସମର୍ଥନ କରିବା ନା ଦୁର୍ଗତିର କାରଣ ସାଜିଥିବା ଦେଶ ବିରୋଧୀ ଶକ୍ତିମାନଙ୍କୁ? ମିଠାଫଳ ପାଇଁ ବିଷମଞ୍ଜି ବୁଣିବା ଉଚିତ କି? ସତ୍ୟ, ଧର୍ମ ଓ ନ୍ୟାୟର ଜୟ ହେଉ। ମଙ୍ଗଳମୟ, ମଞ୍ଜୁଳ ହେଉ ଆମ ଭବିଷ୍ୟତ ଭାରତ।

ମୋ– ୯୪୩୭୪୩୬୦୭୩,
upendrabiswal05@gmail.com

# ଖୁବ୍ ଭଲ ହୋଇଛି

ଗନ୍ଧର୍ବସେନ ରଣା

ଈଶ୍ୱର ଯାହା କରନ୍ତି ପ୍ରାଣୀର ମଙ୍ଗଳ ପାଇଁ। ଏହାକୁ ନେଇ ରହିଛି ଏକ ରୋଚକ କାହାଣୀ। ଅରବିନ୍ଦନଗରର ରାଜା ଶୁକଦେବ ଖୁବ୍ ସଚ୍ଚୋଟ, ଦୟାଳୁ ଓ ପରୋପକାରୀ। ତାଙ୍କର ମନ୍ତ୍ରୀ ସୁମତି ଖୁବ୍ ବୁଦ୍ଧିମାନ ଓ ଚରିତ୍ରବାନ। ହେଲେ ତାଙ୍କର ଗୋଟାଏ ଅଭ୍ୟାସ ହେଉଛି– ଯାହା ବି ଘଟୁ 'ଭଲ ହୋଇଛି' ବୋଲି କୁହନ୍ତି।

ଥରେ ରାଜା ଶିକାରକୁ ଯିବାବେଳେ ଘୋଡ଼ାରୁ ଖସି ଗୋଡ଼ ଖଣ୍ଡିଆ ହୋଇଗଲା। ମନ୍ତ୍ରୀ ଦେଖି ଭଲ ହୋଇଛି ବୋଲି କହିଲେ। ରାଜା ଏହାଦ୍ୱାରା ନିଜକୁ ଅପମାନିତ ମନେକଲେ ଏବଂ ମନ୍ତ୍ରୀଙ୍କୁ ବନ୍ଦୀଶାଳାରେ ରଖି ଜଙ୍ଗଲକୁ ଶିକାର କରିବାକୁ ଚାଲିଗଲେ। ମନ୍ତ୍ରୀ ସେଇଠି ବି କହିଲେ ଭଲ ହୋଇଛି।

ଜଙ୍ଗଲରେ ରାଜା ଦସ୍ୟୁମାନଙ୍କ ହାବୁଡ଼ରେ ପଡିଗଲେ। ସେମାନେ ରାଜାଙ୍କୁ ବଳି ଦେବାକୁ ସ୍ଥିର କରି ଜଙ୍ଗଲର ଠାକୁରାଣୀଙ୍କ ପାଖକୁ ନେଇଗଲେ। ରାଜାଙ୍କୁ ପୂଜାର୍ଚ୍ଚନା କରି ଦୁଇଟି ପଥର ମଝିରେ ମୁଣ୍ଡକୁ ରଖିଲେ। ଜଣେ ଖଣ୍ଡା ଉଠାଇ ହାଣିବା ପାଇଁ ଗଲାବେଳେ ଦେଖିଲା ରାଜାଙ୍କ ପାଦ ଖଣ୍ଡିଆ ହୋଇଛି। ଠାକୁରାଣୀ ଘାଉଡ଼ ହୋଇଥିବା ଲୋକର ବଳି ଖାଆନ୍ତି ନାହିଁ ଭାବି ଛାଡିଦେଲେ। ରାଜା କିଛିଦିନ ପରେ ଜଙ୍ଗଲରୁ ବୁଲି ବୁଲି ଆସି ପହଞ୍ଚିଲେ ଅରବିନ୍ଦନଗରରେ। ସେଠି ଜାଣିବାକୁ ପାଇଲେ ତାଙ୍କ ସହ ଯାଇଥିବା ସିପାହିମାନେ ଦସ୍ୟୁମାନଙ୍କ ଦ୍ୱାରା ନିହତ ହୋଇଛନ୍ତି। ଏହାପରେ ସେ ମନ୍ତ୍ରୀଙ୍କୁ ବନ୍ଦୀଶାଳାରୁ ବାହାର କରିଆଣି କ୍ଷମା ମାଗିଲେ। ଆଉ କହିଲେ– ଗଲାବେଳେ ମୁଁ ଘୋଡ଼ାରୁ ପଡିବାରୁ ଗୋଡ଼ ଖଣ୍ଡିଆ ହୋଇଯାଇଥିଲା। ସେଇଥିପାଇଁ ମୁଁ ଆଜି ବଞ୍ଚିକରି ଆସିଲି। ଆଉ ଆଜି ହିଁ ଜାଣୁଛି ପ୍ରକୃତରେ ଭଗବାନ ଯାହା କରନ୍ତି ମଙ୍ଗଳ ପାଇଁ। ଆଜିଠାରୁ ମୁଁ ମଧ୍ୟ କହିବି, ହଁ! ଯାହା ହୋଇଛି ଭଲ ହୋଇଛି। ମନ୍ତ୍ରୀ କହିଲେ, ଆପଣ ମୋତେ ବି ଯଦି ବନ୍ଦୀ କରି ନ ଥାନ୍ତେ ଓ ମୁଁ ଆପଣଙ୍କ ସହ ଯାଇଥାନ୍ତି, ତେବେ ଆପଣଙ୍କ ବଦଳରେ ସେମାନେ ମୋତେ ବଳି ପକାଇ ଦେଇଥାନ୍ତେ।

ଏମ୍.ଏ.୫୩, ଜିଜିପି କଲୋନୀ, ରସୁଲଗଡ଼, ଭୁବନେଶ୍ୱର

## ଚିରନ୍ତନୀ

''ଜଳି ଉଠୁ ଦୀପ୍ତି ତାର ଢାଳି ଦେଇ
ଦୂରେ ବହୁ ଦୂରେ
''ପ୍ରତି ପ୍ରତିବିମ୍ବ ତାର ଫୁଟୁ ବିଶ୍ୱ–
ମାନସ –ମୁକୁରେ। (ମହାଦୀପ)

–କାଳିନ୍ଦୀ ଚରଣ ପାଣିଗ୍ରାହୀ

## ଆମ ସମସ୍ୟା

### ସଂସ୍କୃତ ଓ ହିନ୍ଦୀ ଶିକ୍ଷକ ଯୋଗାଇ ଦିଆଯାଉ

ମହାଶୟ,

ସ୍କୁଲ ଓ ଗଣଶିକ୍ଷା ବିଭାଗ ଗୁଣାତ୍ମକ ଶିକ୍ଷା ନିମନ୍ତେ ଅନେକ ଯୋଜନା କରୁଛି। ସେଥିଲାଗି ପ୍ରଭୃତ ପରୀକ୍ଷା ନିରୀକ୍ଷା ଚାଲିଛି। ଅଜସ୍ର ଟଙ୍କା ଖର୍ଚ୍ଚ ହେଉଛି। ହେଲେ ଉଚ୍ଚ ପ୍ରାଥମିକ ବିଦ୍ୟାଳୟଗୁଡିକରେ ସଂସ୍କୃତ, ହିନ୍ଦୀ ଶିକ୍ଷକ ନିଯୁକ୍ତି ଦେଉନାହାନ୍ତି। ଛାତ୍ରୀଛାତ୍ର ଅଷ୍ଟମରୁ ଉତ୍ତୀର୍ଣ୍ଣ ହେବା ପରେ ନବମ ଶ୍ରେଣୀରେ ଗୋଟିଏ ବିଷୟ ବାଧ୍ୟତାମୂଳକ ହେଉଥିବାରୁ ଏହି ବିଷୟ ସେମାନଙ୍କ ଲାଗି ଗୁରୁତ୍ୱପୂର୍ଣ୍ଣ। ଅନ୍ୟ ଶିକ୍ଷକ ମଧ୍ୟ ଏହି ବିଷୟ ପଢ଼ାଇବା ସମ୍ଭବ ନୁହେଁ। ତେଣୁ ସରକାର ବିଚାର କରନ୍ତୁ।

ସୁଧାଂଶୁ କୁମାର ଗୌଡ଼, ଭଞ୍ଜନଗର

### ଏମିତି ଆମ ସ୍ୱଚ୍ଛ ଭାରତ

ଧରିତ୍ରୀ (୧୨।୩)ର ୧୪ ପୃଷ୍ଠାରେ ପଢ଼ିଲି ଗଣ୍ଡପାଣି ପିଉଛନ୍ତି 'ରେପୁର ପାଟଣାବାସୀ'। ଏହି ଗ୍ରାମଟି ପୋଡାନଈ ପଞ୍ଚାୟତ ଅଧୀନରେ ଆସୁଛି। ମୋ ଜାଣିବାରେ ପୋଡାନଈ ଗ୍ରାମଟି ଓଡ଼ିଶା ତଥା ଦେଶକୁ ଦେଇଛି ଅନେକ ସ୍ୱନାମଧନ୍ୟ ଡାକ୍ତର ଓ ଅନେକ ବୁଦ୍ଧିଜୀବୀ। କିନ୍ତୁ ସେମାନେ ବୋଧହୁଏ ଆଉ ଗ୍ରାମକୁ ଆସୁନାହାନ୍ତି, ଯେଉଁଥିପାଇଁ ଏ ସମସ୍ୟାର ସମାଧାନ ହୋଇପାରୁନାହିଁ। କେବଳ ସରକାରଙ୍କ ଉପରେ ନିର୍ଭର କଲେ ହେବନାହିଁ। ଏହାର ସମାଧାନ ନିଜେ କରନ୍ତୁ ଏବଂ ସରକାର ତଥା ସ୍ଥାନୀୟ ନେତାମାନଙ୍କୁ ଦେଖେଇଦିଅନ୍ତୁ କିମ୍ବା ଆନ୍ଦୋଳନ କରି ଏ ଅଞ୍ଚଳରେ ନେତାଙ୍କୁ ପ୍ରବେଶ କରିବାକୁ ଦିଅନ୍ତୁ ନାହିଁ।

ଅଦ୍ୱୈତ ପ୍ରସାଦ ବେହେରା, ଅରଣା, ଗଡ଼ମା, ଜଗତ୍‌ସିଂହପୁର

ପାଠକ ଶ୍ରେଷ୍ଠ ବିଚାରକ ସ୍ତମ୍ଭକୁ ପତ୍ର ପଠାଇବାର ଠିକଣା: ସମ୍ପାଦକ, ଧରିତ୍ରୀ, ବି–୧୫, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର–୭୫୧୦୧୦
କେବଳ ସମ୍ପାଦକଙ୍କୁ ପତ୍ର, ଖବର ପାଇଁ ବ୍ୟବହାର କରନ୍ତୁ : E-mail:dharitripress@gmail.com (Use only for letters to Editor, news & news photos) କେବଳ ବିଜ୍ଞାପନ ପାଇଁ ବ୍ୟବହାର କରନ୍ତୁ: E-mail:advt@dharitri.com :miku11@yahoo.com (Use only for advertisements,commercial queries)

## ସାପ୍ତାହିକ ପଞ୍ଜିକା

୭– ମାଳଦ୍ୱୀପ ସାଧାରଣ ନିର୍ବାଚନରେ ପୂର୍ବତନ ରାଷ୍ଟ୍ରପତି ମହମ୍ମଦ ନଶିଦଙ୍କ ଦଳକୁ ନିରଙ୍କୁଶ ସଂଖ୍ୟାଗରିଷ୍ଠତା ମିଳିଛି।

୮– ଓଡ଼ିଶା ଡିଜିପି ରାଜେନ୍ଦ୍ର ପ୍ରସାଦ ଶର୍ମା ଛୁଟିରେ ଥିବାରୁ ସେ ଫେରିବା ପର୍ଯ୍ୟନ୍ତ ବରିଷ୍ଠ ଆଇପିଏସ୍ ଅଫିସର ବିଜୟ କୁମାର ଶର୍ମା ରାଜ୍ୟର ଡିଜିପି ଭାବେ ଅତିରିକ୍ତ ଦାୟିତ୍ୱ ଗ୍ରହଣ କରିଛନ୍ତି।

୯– ମହିଳାମାନେ ଯେକୌଣସି ସ୍ଥାନରୁ ନିର୍ଯାତନା ମାମଲା ଦାଏର କରିପାରିବେ ବୋଲି ସୁପ୍ରିମ୍‌କୋର୍ଟ କହିଛନ୍ତି।

୧୦– କେରଳର ୱାୟନାଡ୍ ପରେ କଂଗ୍ରେସ ଅଧ୍ୟକ୍ଷ ରାହୁଲ ଗାନ୍ଧୀ ଉତ୍ତରପ୍ରଦେଶର ଅମେଠିରୁ ପ୍ରାର୍ଥିପତ୍ର ଦାଖଲ କଲେ।

୧୨– ଇଲେକ୍ଟୋରାଲ ବଣ୍ଡରେ ସଂଗୃହୀତ ଚାନ୍ଦାର ବିବରଣୀ ଦେବାକୁ ସୁପ୍ରିମ୍‌କୋର୍ଟ ଦଳଗୁଡ଼ିକୁ ନିର୍ଦ୍ଦେଶ ଦେଇଛନ୍ତି।




## ସଂକ୍ଷେପରେ

### ୧୬, ୨୨ ଓ ୨୬ରେ ପ୍ରାର୍ଥୀଙ୍କ ଖର୍ଚ୍ଚ ସମୀକ୍ଷା

**କେନ୍ଦ୍ରାପଡ଼ା ଅଫିସ, ୧୪।୪:** ଚଳିତ ସାଧାରଣ ନିର୍ବାଚନର ପ୍ରାର୍ଥୀଙ୍କ ଖର୍ଚ୍ଚ ସମୀକ୍ଷା ଆସନ୍ତା ୧୬, ୨୨ ଓ ୨୬ ତାରିଖରେ ହେବ। ପୂର୍ବାହ୍ନ ୧୧ଟାରୁ ଅପରାହ୍ନ ୨ଟା ପର୍ଯ୍ୟନ୍ତ ଜିଲା କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଭାରତର ନିର୍ବାଚନ କମିଶନଙ୍କ ଦ୍ୱାରା ନିଯୁକ୍ତ ୩ ପର୍ଯ୍ୟବେକ୍ଷକ ଏହି ସମୀକ୍ଷା କରିବେ। ଏହି ପରିପ୍ରେକ୍ଷୀରେ ପ୍ରାର୍ଥୀ ଅଥବା ତାଙ୍କ ପ୍ରତିନିଧି ଏହି ସମୀକ୍ଷା ସମୟରେ ଉପସ୍ଥିତ ହେବାକୁ ଜିଲାପାଳ ତଥା ଜିଲା ନିର୍ବାଚନ ଅଧିକାରୀ ଦାଶରଥି ଶତପଥୀ ସୂଚନା ଦେଇଛନ୍ତି।

### ମହାବିଷୁବ ସଂକ୍ରାନ୍ତି, ହନୁମାନ ଜୟନ୍ତୀ



**ଡେରାବିଶ, ୧୪।୪ (ସ୍ୱ.ପ୍ର.):** ଡେରାବିଶ ବ୍ଲକ ଅଞ୍ଚଳର ବିଭିନ୍ନ ସ୍ଥାନରେ ପବିତ୍ର ମହାବିଷୁବ ସଂକ୍ରାନ୍ତି ଓ ହନୁମାନ ଜୟନ୍ତୀ ରବିବାର ପାଳିତ ହୋଇଯାଇଛି। ଏଥିପାଇଁ ବ୍ଲକ ଅଞ୍ଚଳର ବିଭିନ୍ନ ମନ୍ଦିରରେ ସ୍ୱତନ୍ତ୍ର ବିଧିରେ ପୂଜାର୍ଚ୍ଚନା କରାଯିବା ସହ ସମସ୍ତଙ୍କ ଘର ଅଗଣାରେ ଥିବା ତୁଳସୀ ଚଉଁରାରେ ପଣା ଭୋଗ ଦିଆ ଯାଇଥିଲା। ଏହି ଦିନଟି ମଧ ଏକାଦଶ ରୁଦ୍ରାବତାର ମହାବୀର ହନୁମାନଙ୍କ ଜନ୍ମଦିନ ହୋଇଥିବାରୁ ସଲାରୋ ମଠ, ଦ୍ୱୀପାଞ୍ଚଳର ପୁରୁଷୋତ୍ତମପୁର, ମୁକୁନ୍ଦପୁର, ଚାନ୍ଦୋଳ, କଲେଜଛକ, କୁଶିଆପାଳ, ଠାକୁରପାଟଣା, ନହଙ୍ଗ, ନୀଳକଣ୍ଠପୁର, ଛୋଟି, ଏଣ୍ଡର, ପଞ୍ଚୁପାଣ୍ଡବ, ଚାଟରାଚକଡ଼ା, ବେଣିପୁର ଓ ଦୁମୁକାହାଟରେ ଥିବା ହନୁମାନ ମନ୍ଦିରରେ ହଜାର ହଜାର ସଂଖ୍ୟାରେ ଶ୍ରଦ୍ଧାଳୁ ଯୋଗଦେଇ ପୂଜାର୍ଚ୍ଚନା କରିଥିଲେ। ଏଥିସହ କେତେକ ସ୍ଥାନରେ ୧୦୮ ହନୁମାନ ଚାଳିଶା ପାଠ ହୋଇଥିଲା। ଏହି ଅବସରରେ ବ୍ଲକ ଅଧୀନ ଗୁଆଲସିଂ ପଞ୍ଚାୟତ ଉଦୟନଗରଠାରେ ଥିବା ହନୁମାନ ମନ୍ଦିରରେ ଅନୁଷ୍ଠିତ କାର୍ଯ୍ୟକ୍ରମକୁ ପ୍ରଫୁଲ୍ଲ ଦାଶ, ପ୍ରଦୀପ ଦାଶ, ଶିବାନୀ ଦାଶ, ଚିନ୍ମୟ ତ୍ରିପାଠୀ ପ୍ରମୁଖ ପରିଚାଳନା କରିଥିଲେ।

### ଆକସ୍ମିକ ଅଗ୍ନିକାଣ୍ଡ, ୫ ବଖରା ଭସ୍ମ

**ଆଳି, ୧୪।୪ (ଡି.ଏନ୍.ଏ.):** ଆଳି ବ୍ଲକ ଅଧୀନ ମେଣ୍ଢପୁର ପଞ୍ଚାୟତ ପୋଡ଼ାମରାଇ ଗ୍ରାମରେ ଶନିବାର ବିଳମ୍ବିତ ରାତିରେ ଆକସ୍ମିକ ଅଗ୍ନିକାଣ୍ଡ ଘଟି ୫ ବଖରା ଜଳିଯାଇଛି। ଘଟଣା ଅନୁଯାୟୀ, ଗ୍ରାମର ଅଶୋକ ମଲିକଙ୍କ ଘରେ କୌଣସି କାରଣରୁ ନିଆଁ ଲାଗିଯାଇଥିଲା। ଏହା ପ୍ରକୋପରେ ଅର୍ଜୁନ ମଲିକ, ଅମର ମଲିକ, ଖଗେଶ୍ୱର ମଲିକ, ତ୍ରିଲୋଚନ ମଲିକଙ୍କ ଘର ମଧ ଜଳିଯାଇଥିଲା। ଗ୍ରାମବାସୀ ନିଆଁକୁ ଆୟତ କରିବାକୁ ଉଦ୍ୟମ କରିଥିଲେ। ଖବରପାଇ ଆଳି ଅଗ୍ନିଶମ ସେବା ସଂସ୍ଥାର କର୍ମଚାରୀ ଘଟଣାସ୍ଥଳରେ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲେ। ତେବେ ଅଗ୍ନିକାଣ୍ଡରେ ଘରର ସମସ୍ତ ଆସବାବପତ୍ର ସମେତ ଧାନ, ଚାଉଳ, ଗହମ, ନଗଦ ଟଙ୍କା ଆଦି ପୋଡ଼ିଯାଇଛି। ରବିବାର ସକାଳେ ସ୍ଥାନୀୟ ସରପଞ୍ଚ ପ୍ରତାପ ସାହୁ ଅଗ୍ନି ବିପନ୍ନ ପରିବାରକୁ ଭେଟି ୩ ଦିନ ପର୍ଯ୍ୟନ୍ତ ରନ୍ଧାଖାଦ୍ୟର ବ୍ୟବସ୍ଥା କରିଛନ୍ତି। ଆଳି ବିଜେଡି ବିଧାୟକ ପ୍ରାର୍ଥୀ ପ୍ରତାପ ଦେବ, ବିଧାୟକ ଦେବେନ୍ଦ୍ର ଶର୍ମା, ଆଳି ପଞ୍ଚାୟତ ସମିତି ଅଧକ୍ଷା ଝରଣା ଦାଶ, ଜିଲା ବିଜେଡି ସାଧାରଣ ସମ୍ପାଦକ ପ୍ରଦ୍ୟୁମ୍ନ ଦାଶ, ଭାଜପା ନେତା କୃଷ୍ଣଚନ୍ଦ୍ର ପଣ୍ଡା ପ୍ରମୁଖ ବିପନ୍ନଙ୍କୁ ଭେଟି ଖାଦ୍ୟ ସାମଗ୍ରୀ ଯୋଗାଇ ଦେଇଥିବା ଜଣାପଡ଼ିଛି।

# ରାମଚଣ୍ଡୀ ପୀଠରେ ଝାମୁଯାତ୍ରା

**ମହାକାଳପଡା, ୧୪।୪ (ଡି.ଏନ୍.ଏ.)**




ଝାମୁଯାତ୍ରା ଅବସରରେ ମା'ଙ୍କ ଚଳନ୍ତି ପ୍ରତିମାକୁ ମନ୍ଦିର ଚାରିପଟେ ପରିକ୍ରମା କରାଯାଉଛି। ପାଟୁଆମାନେ ନୃତ୍ୟ ପ୍ରଦର୍ଶନ କରୁଛନ୍ତି।

ମହାକାଳପଡା ବ୍ଲକ ରାମନଗର ଅଞ୍ଚଳର ପ୍ରାଚୀନ ଶକ୍ତିପୀଠ ମା'ଦରିଆ ରାମଚଣ୍ଡୀ ପୀଠରେ ରବିବାର ମହାବିଷୁବ ସକ୍ରାନ୍ତି ଅବସରରେ ପ୍ରସିଦ୍ଧ ଝାମୁଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଏହି ଉପଲକ୍ଷେ ପ୍ରାତଃ ୪ଟାରୁ ମା'ଙ୍କ ମଙ୍ଗଳ ଆଳତି, ମହାସ୍ନାନ ପରେ ମା'ଙ୍କୁ ବିଭିନ୍ନ ଅଳଙ୍କାରରେ ଅଳଙ୍କୃତ କରାଯିବା ସହ କଳା ଶାଢି ପିନ୍ଧାଇ ଦିଆଯାଇଥିଲା। ପରେ ମା'ଙ୍କ ନିକଟରେ ବିଭିନ୍ନ କିସମର ଫଳ, କ୍ଷୀର, ବସାଦହି, ଛେନା, ବେଲ ଓ ଛତୁଆ ଆଦିରେ ତିଆରି ପଣା ଭୋଗ ଲାଗି ହୋଇଥିଲା। ମଧାହ୍ନରେ ମା'ଙ୍କ ଚଳନ୍ତି ପ୍ରତିମାକୁ ସୁସଜ୍ଜିତ ବିମାନରେ ମନ୍ଦିର ଚତୁଃପାର୍ଶ୍ୱରେ ୭ ଥର ପରିକ୍ରମା କରାଯାଇଥିଲା। ଏଥିସହିତ ମା'ଙ୍କ ବିମାନକୁ ମନ୍ଦିର ସମ୍ମୁଖରେ ରଖାଯାଇ ୩ ଘଣ୍ଟପାଟୁଆ (ରାଉଳ ସମ୍ପ୍ରଦାୟ) ଏକ ଗାଡ଼ରେ ନିଆଁରେ ଖାଲି ପାଦରେ ଚାଲିଥିଲେ। ଏହି ପ୍ରସିଦ୍ଧ ଝାମୁ ଯାତ୍ରା ଦେଖିବାକୁ ସ୍ଥାନୀୟ ଅଞ୍ଚଳ ସମେତ କଲିକତା, ଦିଘା, ବାଲେଶ୍ୱର, ପାରାଦୀପ, କୁଜଙ୍ଗ, କେନ୍ଦ୍ରାପଡ଼ା, ମାର୍ଶାଘାଇ ଅଞ୍ଚଳର ହଜାର ହଜାର ଶ୍ରଦ୍ଧାଳୁ ମା'ଙ୍କ ଦର୍ଶନ କରିଥିଲେ। ପୂର୍ବରୁ ଏଠାରେ ବଳି ପ୍ରଥା ପ୍ରଚଳିତ ହେଉଥିଲା। ମାତ୍ର ପ୍ରଶାସନର ବାରଣ ପରେ ଏଠାରେ ବଳି ପ୍ରଥା ବନ୍ଦ କରିଦିଆଯାଇଛି। ତେବେ ଝାମୁଯାତ୍ରାରେ ପ୍ରବଳ ଗହଳି ମଧରେ ବିଭିନ୍ନ ରାଜନୈତିକ ଦଳର ପ୍ରାର୍ଥୀମାନେ ମା'ଙ୍କ ପୀଠରେ ପହଞ୍ଚି ଆଶୀର୍ବାଦ ଭିକ୍ଷା କରିଥିଲେ। ବିଧାୟକ ପ୍ରାର୍ଥୀ ଅତନୁ ସବ୍ୟସାଚୀ ନାୟକ, ବିଭ୍ରାଂଶୁ ଶେଖର ଲେଙ୍କା, ବିଜୟ ପ୍ରଧାନ ଓ ଏମ୍‌ପି ପ୍ରାର୍ଥୀ ବୈଜୟନ୍ତ ପଣ୍ଡା, ଧରଣୀଧର ନାୟକ, ଅନୁଭବ ମହାନ୍ତି ସମର୍ଥକଙ୍କ ସହ ମା'ଙ୍କ ମନ୍ଦିରରେ ପହଞ୍ଚିଥିଲେ। ଅନ୍ୟମାନଙ୍କ ମଧରେ ବରିଷ୍ଠ ଭାଜପା ନେତା ବିଷ୍ଣୁ ଦାସ, ଦୁର୍ଗା ପ୍ରସନ୍ନ ନାୟକ, ରାକେଶ ମହାପାତ୍ର, ବରିଷ୍ଠ କଂଗ୍ରେସ ନେତା ଜ୍ଞାନଦେବ ବେଉରାଙ୍କ ସମେତ ବିଭିନ୍ନ ରାଜନୈତିକ ଦଳର କର୍ମୀମାନେ ଯୋଗ ଦେଇଥିଲେ। କିମ୍ବଦନ୍ତୀ ଅନୁସାରେ, ମା' ଦରିଆ ରାମଚଣ୍ଡୀ ମନ୍ଦିର ୧୭୩୭ ମସିହାରେ କୁଜଙ୍ଗର ଶାସିତ ରାଜାଙ୍କ ଦ୍ୱାରା ପ୍ରତିଷ୍ଠା କରାଯାଇଲା। ମା'ଙ୍କ ମନ୍ଦିର ତୋଳିବା ସହ କିଛି ଜମି, ସେବାୟତ ଓ ବ୍ରାହ୍ମଣମାନଙ୍କୁ ନିୟୋଜିତ କରାଯାଇଥିଲା।

- ୨୫ ହଜାରରୁ ଅଧିକ ଶ୍ରଦ୍ଧାଳୁଙ୍କ ସମାଗମ
- ମା'ଙ୍କ କୃପାଭିକ୍ଷା କଲେ ବିଭିନ୍ନ ଦଳର ପ୍ରାର୍ଥୀ

### ଝାମୁଯାତ୍ରାରେ ପକେଟ ମାର୍

ଝାମୁଯାତ୍ରାର ସୁପରିଚାଳନା ପାଇଁ ମନ୍ଦିର ପରିଚାଳନା ଟ୍ରଷ୍ଟ ଓ ଜମ୍ବୁ ମେରାଇନ ପୋଲିସ ପକ୍ଷରୁ ବ୍ୟାପକ ସୁରକ୍ଷା ବ୍ୟବସ୍ଥା କରାଯାଇଥିଲା। ଏହାସତ୍ତ୍ୱେ ଯାତ୍ରା ବେଳେ ୧୫ରୁ ଅଧିକ ଶ୍ରଦ୍ଧାଳୁଙ୍କ ପକେଟ୍ ମାର ଓ ମୋବାଇଲ ଚୋରି ହୋଇଥିବା ସୂଚନା କେନ୍ଦ୍ରରେ ଅଭିଯୋଗ କରିଥିଲେ। ତେବେ ଏ ନେଇ ଏକ ର୍‍ୟାକେଟ ସକ୍ରିୟ ଥିବା ଆଶଙ୍କା କରାଯାଉଛି। ପ୍ରାୟ ୫୦୦ରୁ ଊର୍ଦ୍ଧ୍ୱ ଦୋକାନ ବଜାର, ରାମ ଦୋଳି ଆଦି ମନ୍ଦିର ପାର୍ଶ୍ୱରେ ପସରା ମେଲାଇଥିଲେ।

# ହନୁମାନ ଜୟନ୍ତୀ ଉପଲକ୍ଷେ ଶୋଭାଯାତ୍ରା

**କେନ୍ଦ୍ରାପଡା ଅଫିସ, ୧୪।୪**

କେନ୍ଦ୍ରାପଡା ଜିଲା ବଜରଙ୍ଗ ଦଳ ପକ୍ଷରୁ ହନୁମାନ ଜୟନ୍ତୀ ପାଳନ ଉପଲକ୍ଷେ ଏକ ମୋଟର ସାଇକେଲ ଶୋଭାଯାତ୍ରା ରବିବାର ଅନୁଷ୍ଠିତ ହୋଇଯାଇଛି। ତୁଳସୀ କ୍ଷେତ୍ରାଧିପତି ଶ୍ରୀ ବଳଦେବଜୀଉଙ୍କ ଇଚ୍ଛାପୁରସ୍ଥିତ ମାଉସୀମା' ମନ୍ଦିରରୁ ଶୋଭାଯାତ୍ରା ବାହାରି ନଗର ପରିକ୍ରମା ସହିତ ତିନିମୁହାଣିସ୍ଥିତ ବଜରଙ୍ଗ ଦଳ କାର୍ଯ୍ୟାଳୟରେ ପହଞ୍ଚିଥିଲା। ଏହି ଧାର୍ମିକ ଶୋଭାଯାତ୍ରାରେ ଶାନ୍ତିଶୃଙ୍ଖଳା ପାଇଁ ସହର ସାରା ପୋଲିସ ଛାଉଣୀ ହୋଇଥିଲେ। ଆଇଜି ସୌମେନ୍ଦ୍ର ପ୍ରିୟଦର୍ଶୀ, ଏସ୍‌ପି ନୀତି ଶେଖର, ଏଏସ୍‌ପି ଅରୁଣ କୁମାର ଜେନା, ଏସ୍‌ଡିପିଓ ରାଜୀବ ଲୋଚନ ପଣ୍ଡା, ଏସ୍‌ଡିପିଓ ରଞ୍ଜନ କୁମାର ଦେ ପ୍ରମୁଖ ଉପସ୍ଥିତ ରହି ଶୋଭାଯାତ୍ରାକୁ ଶାନ୍ତି ଶୃଙ୍ଖଳାରସହ ସମାପନ କରିଥିଲେ। ଏଥିପାଇଁ ଜିଲା ପୋଲିସ ସମେତ ଅଧିକ ୫ ପ୍ଲାଟୁନ ପୋଲିସ ଫୋର୍ସ ସହରର ପ୍ରତି ଗଳିକନ୍ଦିରେ ମୁତୟନ ହୋଇଥିଲେ। ସେହିପରି ଜିଲାପାଳ ଦାଶରଥି ଶତପଥୀ, ଉପ ଜିଲାପାଳ ଡା. ସଞ୍ଜୟ ମିଶ୍ରଙ୍କ ସମେତ ୮ ଅଧିକାରୀ ମାଜିଷ୍ଟ୍ରେଟ ଦାୟିତ୍ୱ ନିର୍ବାହ କରିଥିଲେ। ଧର୍ମରକ୍ଷା ସେନାର ଜିଲା ସଂଯୋଜକ ବିବେକାନନ୍ଦ ମହାରଣା, ରାଜ୍ୟ ପ୍ରାନ୍ତ ସୁରକ୍ଷା ପ୍ରମୁଖ ହିମାଂଶୁଭୂଷଣ ଦାଶ, ଜିଲା ବିଶ୍ୱହିନ୍ଦୁ ପରିଷଦର ପବିତ୍ରମୋହନ ସ୍ୱାଇଁ, ବଜରଙ୍ଗ ଦଳ ଜିଲା ସଂଯୋଜକ ରାଜକିଶୋର ନାୟକ, ସହ ସଂଯୋଜକ ଅକ୍ଷୟ କୁମାର, ବିରେନ୍ଦ୍ର ସାମଲ ପ୍ରମୁଖଙ୍କ ନେତୃତ୍ୱରେ ଅନୁଷ୍ଠିତ ଏହି ଶୋଭାଯାତ୍ରାରେ ୧୫୦୦ରୁ ଅଧିକ ମଟରସାଇକେଲ ସାମିଲ ହୋଇଥିଲା।



ଶୋଭାଯାତ୍ରାରେ ବଜରଙ୍ଗ ଦଳର ସଦସ୍ୟମାନେ।

# ବନ୍ତଳାରେ ଭାଜପାର ମିଶ୍ରଣ ପର୍ବ



ମିଶ୍ରଣ ପର୍ବ ଅବସରରେ ବିଧାୟକ ପ୍ରାର୍ଥୀ ବିଜୟ ମହାପାତ୍ର ଓ ନୂତନ କର୍ମୀମାନେ।

**ପାଟକୁରା, ୧୪।୪ (ଡି.ଏନ୍.ଏ.)**

ଗରଦପୁର ବ୍ଲକ ବନ୍ତଳା ପଞ୍ଚାୟତସ୍ଥିତ ବନ୍ତଳା କ୍ଷେତ୍ରପାଳପୀଠରେ ଭାଜପାର ମିଶ୍ରଣ ପର୍ବ ଶନିବାର ଅନୁଷ୍ଠିତ ହୋଇଯାଇଛି। ବରିଷ୍ଠ ଭାଜପା ନେତା ପାଟକୁରା ବିଧାୟକ ପ୍ରାର୍ଥୀ ବିଜୟ ମହାପାତ୍ରଙ୍କ ଉପସ୍ଥିତିରେ ବ୍ଲକ ଅଞ୍ଚଳର ବହୁ ବିଜେଡି କର୍ମୀ ଭାଜପାରେ ସାମିଲ ହୋଇଥିଲେ। ବନ୍ତଳାର ପୂର୍ବତନ ସମିତି ସଭ୍ୟ ଅଟଳବିହାରୀ ଜେନା, ବିଜୁ କୃଷକ ଜନତାଦଳର ରାଜ୍ୟ ସମ୍ପାଦକ ଚିତ୍ତରଞ୍ଜନ ଚୌଧୁରୀ, ହେମନ୍ତ ସେଠୀ, ପ୍ରଦୀପ ରାଉତ, ପ୍ରଫୁଲ୍ଲ ମହାନ୍ତି, ନିଖିଳ କୁମାର ମହାନ୍ତି, ସରୋଜକାନ୍ତ ସାମଲ, ଗୌରାଙ୍ଗ ବିଶ୍ୱାଳ ଓ ବିଜ୍ଞାନ ବିଶ୍ୱାଳଙ୍କ ସମେତ ବହୁ ବିଜେଡି ନେତା ଭାଜପାରେ ଯୋଗଦେଇଥିଲେ। ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟଧାରା ପ୍ରଭାବିତ ହୋଇ ସେମାନେ ଭାଜପାରେ ସାମିଲ ହୋଇଥିବା କହିଛନ୍ତି।

## ଜଳଛତ୍ର ଖୋଲିଲେ ଯବାନ

**ରାଜକନିକା, ୧୪।୪ (ଡି.ଏନ.ଏ)**

ରାଜକନିକା ବ୍ଲକ ଚରପଡ଼ା ଗ୍ରାମର ଜଣେ ସିଆର୍‌ପିଏଫ୍ ଯବାନ ଆନନ୍ଦ ଚନ୍ଦ୍ର ଯେନା ସିଂହପୁର-ରାଜକନିକା ମୁଖ୍ୟରାସ୍ତାର ଠାକୁରାଣିପାଳ ନିକଟରେ ଏକ ଜଳଛତ୍ର ରବିବାର ଖୋଲିଛନ୍ତି। ଗ୍ରାମର ଯୁବକମାନେ ମଧ ଏହି କାର୍ଯ୍ୟକ୍ରମରେ ସାମିଲ ହୋଇଛନ୍ତି। ପ୍ରବଳ ଖରା ଓ ଗୁଳୁଗୁଳି ସତ୍ତ୍ୱେ ଯୁବକମାନେ ଜଳଛତ୍ର କେନ୍ଦ୍ରରେ ଉପସ୍ଥିତ ରହି ଲୋକମାନଙ୍କୁ ପାନୀୟ ଜଳ ବଣ୍ଟନ କରୁଛନ୍ତି। ଏହି ଜଳଛତ୍ର କେନ୍ଦ୍ର ଆସନ୍ତା ଏକମାସ ପର୍ଯ୍ୟନ୍ତ ଚାଲିବ ବୋଲି ଜଣାପଡ଼ିଛି। ସାଧାରଣରେ ଯବାନଙ୍କ ଏହି କାର୍ଯ୍ୟକୁ ପ୍ରଶଂସା କରାଯାଇଛି।



# ଆମ୍ବେଡକର ଜୟନ୍ତୀ ପାଳିତ



ଜିଲାପାଳ କାର୍ଯ୍ୟାଳୟ ସଦ୍‌ଭାବନା ଗୃହରେ ଜିଲାପାଳ ଦାଶରଥି ଶତପଥୀ ଓ ଅନ୍ୟମାନେ।

**କେନ୍ଦ୍ରାପଡା ଅଫିସ, ୧୪।୪**

ସହରର ବିଭିନ୍ନ ସ୍ଥାନରେ ଭାରତର ସମ୍ବିଧାନ ପ୍ରଣେତା ଡା.ଭୀମରାଓ ରାମଜୀ ଆମ୍ବେଡ଼କରଙ୍କ ୧୨୮ତମ ଜୟନ୍ତୀ ରବିବାର ପାଳିତ ହୋଇଯାଇଛି। ଜିଲା ପ୍ରଶାସନ ପକ୍ଷରୁ ଜିଲାପାଳ କାର୍ଯ୍ୟାଳୟ ସଦ୍‌ଭାବନା ଗୃହରେ ଏହା ପାଳନ କରାଯାଇଥିଲା। ମୁଖ୍ୟ ଅତିଥି ଜିଲାପାଳ ଦାଶରଥି ଶତପଥୀ ଓ ଅନ୍ୟ ଉପସ୍ଥିତ ବୁଦ୍ଧିଜୀବୀମାନେ ଡା. ଆମ୍ବେଡ଼କରଙ୍କ ପ୍ରଜ୍ଞା ପ୍ରତିଭା ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ। ସେହିପରି ସର୍ବଭାରତୀୟ ସମତା ସୈନିକ ଦଳ କେନ୍ଦ୍ରାପଡ଼ା ଜିଲା ଶାଖା ପକ୍ଷରୁ ଆମ୍ବେଡକରଙ୍କ ଜୟନ୍ତୀ ଉତ୍ସବ କପାଳେଶ୍ୱରସ୍ଥିତ ଡା. ବି.ଆର୍. ଆମ୍ବେଡ଼କର ଭବନରେ ଅନୁଷ୍ଠିତ ହୋଇଥିଲା। ସୁଧୀର କୁମାର ମଲ୍ଲିକଙ୍କ ଅଧକ୍ଷତାରେ ଅନୁଷ୍ଠିତ ଏହି ସଭାରେ ବହୁ ବୁଦ୍ଧିଜୀବୀ ଓ ରାଜନେତା ଯୋଗ ଦେଇଥିଲେ। ସମ୍ପାଦକ ଅଶୋକ କୁମାର ସେଠୀ ଏହାକୁ ପରିଚାଳନା କରିଥିଲେ। ପୁରୁଣା ବସଷ୍ଟାଣ୍ଡଠାରେ ଜିଲା ପ୍ରଶାସନ ପକ୍ଷରୁ ଡା. ଆମ୍ବେଡ଼କରଙ୍କ ଆବକ୍ଷ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଥିଲା। ଜିଲାପାଳ ଶତପଥୀ, ଶିକ୍ଷାବିତ୍ ନନ୍ଦକିଶୋର ପରିଡ଼ା, ଡା. ବାସୁଦେବ ଦାସ, ଆଶିଷ ସେନାପତି, ଜିଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଚନ୍ଦ୍ରକାନ୍ତ ନାୟକ, ଅମରବର ବିଶ୍ୱାଳ ପ୍ରମୁଖ ମାଲ୍ୟାର୍ପଣ କରିଥିଲେ। ସିପିଆଇ(ଏମ୍) ଓ ସି.ପି.ଆଇ ପକ୍ଷରୁ ଆୟୋଜିତ କାର୍ଯ୍ୟକ୍ରମରେ ଉମେଶ ଚନ୍ଦ୍ର ସିଂହ ଅଧକ୍ଷତା କରିଥିଲେ। ଜିଲା ସମ୍ପାଦକ ଗୟାଧର ଧଳ, ରମଣୀରଞ୍ଜନ ରାଉତରାୟ, ବାବାଜୀ ଧଳ, ମାଧବ ଦାସ, ଅଜିତ କୁମାର ପରିଡ଼ା, ରମେଶ ଚନ୍ଦ୍ର ମଲିକ, ଅସିତ ମିର୍ଦ୍ଧ ଓ ଶରତ ମଲିକ ପ୍ରମୁଖ ସାମିଲ ହୋଇଥିଲେ।

# ପଣା ବାଣ୍ଟି ଓଡ଼ିଆ ନବବର୍ଷକୁ ସ୍ୱାଗତ

**କେନ୍ଦ୍ରାପଡା ଅଫିସ, ୧୪।୪**

ବୈଶାଖ ମାସର ସଂକ୍ରାନ୍ତିକୁ ପଣାସଂକ୍ରାନ୍ତି ବା ମହାବିଷୁବ ସଂକ୍ରାନ୍ତି କୁହାଯାଏ। ଏହି ଦିନଟିଠାରୁ ଆରମ୍ଭ ହୁଏ ଓଡ଼ିଆ ନବବର୍ଷ। କେନ୍ଦ୍ରାପଡ଼ା ଜିଲାର ବିଭିନ୍ନ ସ୍ଥାନରେ ରବିବାର ପଣା ସକ୍ରାନ୍ତି ଅବସରରେ ପାଣି ଓ ପଣା ବଣ୍ଟନ କରାଯାଇ ଓଡ଼ିଆ ନୂଆବର୍ଷକୁ ସ୍ୱାଗତ କରାଯାଇଛି। ନୂଆବର୍ଷରେ ଠାକୁର ଦର୍ଶନ କରି ଦିନ ଆରମ୍ଭ କରିଥିଲେ ଜିଲାବାସୀ। ବିଭିନ୍ନ ସ୍ଥାନରେ ଜଳଛତ୍ର ଖୋଲିଥିବା ବେଳେ ଚଳଚଞ୍ଚଳ ହୋଇଉଠିଥିଲା ଦେବୀଦେବ ପୀଠ। ଏଥିସହ ପରମ୍ପରା ଅନୁଯାୟୀ ପଣା ସଂକ୍ରାନ୍ତି ପାଇଁ ପ୍ରତି ଘରର ଚଉଁରାମୂଳରେ ଘଡ଼ି ବସାଯାଇ ପଣା ଭୋଗ କରାଯାଇଥିଲା।

ଏ ସମ୍ପର୍କରେ ପଣ୍ଡିତ ହୃଷୀକେଶ ରଥ କହିଛନ୍ତି, ବୈଶାଖ ମାସରେ ପ୍ରଚଣ୍ଡ ରୌଦ୍ରତାପରୁ ଜୀବଜଗତକୁ ରକ୍ଷା ପାଇଁ ପାଣିର ବ୍ୟବସ୍ଥା କରାଯାଇଥାଏ। ତୁଳସୀ ଗଛ ମୂଳରେ ପାଣି ଯୋଗାଇ ଦେବା ପାଇଁ ଚଉଁରା ଉପରେ ବୈଶାଖ ମାସ ସାରା ଜଳଧାରା ଠେକି ବନ୍ଧା ଯାଇଥାଏ। ଆଗକାଳରେ ମୁନିଋଷିମାନେ ସମସ୍ତ ଔଷଧୀୟ ଗୁଳ୍ମ ସହିତ ବିରାଟ ବୃକ୍ଷରେ ପାଣି ଦେବା ପାଇଁ ଏହି ପରମ୍ପରା ଆରମ୍ଭ କରିଥିଲେ ବୋଲି ପଣ୍ଡିତ ରଥ କହିଛନ୍ତି। ଏବେ ପୂର୍ବପରି ବଣଜଙ୍ଗଲ ନାହିଁ। ଫଳରେ ଦିନକୁଦିନ ତାପମାତ୍ରା ବଢ଼ିବାରେ ଲାଗିଛି। ପରିବେଶ ସନ୍ତୁଳନ ପାଇଁ ଗଛର ଆବଶ୍ୟକତାକୁ ସମସ୍ତେ ଉପଲବ୍ଧି କରିବା ଓଡ଼ିଆ ନବବର୍ଷର ପ୍ରଥମ ଆଭିମୁଖ୍ୟ ହେଉ ବୋଲି ସେ କହିଛନ୍ତି।

ମହାବିଷୁବ ସଂକ୍ରାନ୍ତିରେ ମହାବୀର ହନୁମାନଙ୍କ ଜୟନ୍ତୀ ତିଥି ଥିବାରୁ ବିଭିନ୍ନ ଅନୁଷ୍ଠାନରେ ପୂଜା, ହୋମ, ସଚେତନତା ରାଲି ଆଦି ଅନୁଷ୍ଠିତ ହୋଇଯାଇଛି। ସହରର କଚେରିରୋଡ଼ ସ୍ଥିତ ମହାବୀର ମନ୍ଦିରରେ ହନୁମାନ ଜୟନ୍ତୀ ଉତ୍ସବ ଅଷ୍ଟମ ଥର ପାଇଁ ଅନୁଷ୍ଠିତ ହୋଇଯାଇଛି। ଶ୍ରୀ ମହାବୀର ହନୁମାନ ଉପସନା କମିଟି ପକ୍ଷରୁ ଏଠାରେ ପୂଜାର୍ଚ୍ଚନା ଓ ହୋମଯଜ୍ଞ ଅନୁଷ୍ଠିତ ହୋଇଥିଲା। କମିଟି ସଭାପତି ବଳଦେବ ପ୍ରସାଦ ସାମନ୍ତ, ସମ୍ପାଦକ ରାଖାଲ ପ୍ରସାଦ ମହାନ୍ତି, କୋଷାଧକ୍ଷ ନଗେନ ମହାକୁଡ଼ ଓ ଅନ୍ୟ ସଦସ୍ୟମାନେ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ସେହିପରି ସାନ୍ତସାହି, ପୁରୁଷୋତ୍ତମପୁର, ତିନିମୁହାଣି, ଗରାପୁର ଆଦି ସ୍ଥାନରେ ହନୁମାନ ଜୟନ୍ତୀ ଉତ୍ସବ ଅନୁଷ୍ଠିତ ହୋଇଥିଲା। ଏଥିସହ ସହର ମଧରେ ଥିବା ବିଭିନ୍ନ ଦେବୀଦେବ ମନ୍ଦିରରେ ସ୍ୱତନ୍ତ୍ରଭାବେ ଦେବନୀତି ଓ ପୂଜାର୍ଚ୍ଚନା ହୋଇଥିଲା। ସେହିପରି ଚଉରି ବରହମପୁରରେ ମା' ମଙ୍ଗଳାଙ୍କ ପୂଜାର୍ଚ୍ଚନା ସହିତ ଝାମୁଯାତ୍ରା ଅନୁଷ୍ଠିତ ହୋଇଥିଲା।



ପୁରୁଷୋତ୍ତମପୁର ରାମ ମନ୍ଦିରରେ ହନୁମାନ ଜୟନ୍ତୀ ଉପଲକ୍ଷେ ପୂଜାର୍ଚ୍ଚନା।

## ପୋଖରୀରେ ବୁଡି ବାଳକ ମୃତ

**କେନ୍ଦ୍ରାପଡା ଅଫିସ, ୧୪।୪**


ସଦର ଥାନା ଅଧୀନ ସହର ନିକଟ କଦଳୀବାଡି ଗ୍ରାମରେ ଜନୈକ ନାବାଳକ ରବିବାର ପୋଖରୀରେ ବୁଡ଼ି ପ୍ରାଣ ହରାଇଛନ୍ତି। ସେ ହେଲେ ସେହି ଗ୍ରାମର ଧୂଳେଶ୍ୱର ମଲିକଙ୍କ ପୁଅ ଭାଗୀରଥି(୧୦)। ଧୂଳେଶ୍ୱର ଏ ନେଇ ଥାନାରେ ଅଭିଯୋଗ କରିବା ପରେ ପୋଲିସ ଅପମୃତ୍ୟୁ ମାମଲା ରୁଜୁ କରି ଶବ ବ୍ୟବଚ୍ଛେଦ କରାଇଛି। ଭାଗିରଥି ସକାଳୁ ସାଙ୍ଗମାନଙ୍କ ସହ ଗ୍ରାମ ନିକଟ ଏକ ପୋଖରୀକୁ ଗାଧୋଇବାକୁ ଯାଇଥିଲେ। ସେଠାରେ ତାଙ୍କ ଗୋଡ଼ ଖସିଯିବାରୁ ସେ ବୁଡ଼ିଯାଇଥିଲେ। ତାଙ୍କ ସହ ଗାଧୋଉଥିବା ପିଲାମାନଙ୍କ ଚିତ୍କାର ଶୁଣି ସ୍ଥାନୀୟ ଲୋକେ ଘଟଣାସ୍ଥଳରେ ପହଞ୍ଚି ଭାଗୀରଥିଙ୍କୁ ଉଦ୍ଧାର କରିଥିଲେ। ପରେ ତାଙ୍କୁ ଜିଲା ମୁଖ୍ୟ ଚିକିତ୍ସାଳୟକୁ ନିଆଯାଇଥିଲେ ହେଁ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

ତୃତୀୟ ଜନ୍ମଦିନ ଶୁଭେଚ୍ଛା



ସାଇ ସୌଭିକ (ଡୁଗୁ)
ତୋର ୩ୟ ଜନ୍ମଦିନରେ ସାଇବାବାଙ୍କ ପାଖରେ ଏତିକି ପ୍ରାର୍ଥନା କରୁଛୁ ପ୍ରଭୁ ତୋତେ ସୁସ୍ଥ ଓ ଦୀର୍ଘାୟୁ ରଖନ୍ତୁ। ତୋ ଭବିଷ୍ୟତ ଉଜ୍ଜ୍ୱଳମୟ ହେଉ, ଚଲାପଥ କୁସୁମିତ ହେଉ ଏତିକି କାମନା ଜଣାଉଛୁ।
ଶୁଭେଚ୍ଛା ସହ
ବାପା- ବିଶିକେଶନ, ମାମା- ସୁଶ୍ରୀ ସଙ୍ଗୀତା, ଜେଜେମା, ଅଜା, ଆଈ, ମାମୁ, ମଉସା, ମାଉସୀ, ଏବଂ ପରିବାରବର୍ଗ।
ଧ-୧୨୧୫୨

ଦ୍ୱିତୀୟ ଜନ୍ମଦିନ ଶୁଭେଚ୍ଛା



ଶୁଭଲକ୍ଷ୍ମୀ ଦାସ(ମୁନ୍)
ଶୁଭ ଜନ୍ମଦିନ ଅବସରରେ ପ୍ରଭୁ ଶ୍ରୀଗଣେଶ ଠାକୁରେ ତୋତେ ଭଲ ମଣିଷଟିଏ କରନ୍ତୁ।
ଶୁଭେଚ୍ଛା ସହ
ଜେଜେ ବାପା, ଜେଜେ ମା, ଆଈ, ବଡ଼ ବାପା, ବଡ଼ ବୋଉ, ବାପା, ମାମା, ମାମୁ, ମାଇଁ, ଦାଦା, ଦିଦି, ମଉସା, ମାଉସୀ, ପିଇସା, ପିଉସୀ।
ଧ-୧୨୧୫୧

ଦ୍ୱିତୀୟ ଜନ୍ମବାର୍ଷିକୀ ଶୁଭେଚ୍ଛା



(ଗୁଡୁ)
ବିନୟ କ୍ରିଷ୍ଣ ତ୍ରିପାଠୀ
ଭୁବନେଶ୍ୱର
ଶୁଭ ଜନ୍ମଦିନରେ ପ୍ରଭୁ ତୁମକୁ ଦୀର୍ଘାୟୁ କରନ୍ତୁ ଏବଂ ତୁମ ଚଲାପଥ ପୁଷ୍ପିତ ହେଉ।
ଶୁଭାଶୀର୍ବାଦ ସହ
ଜେଜେବାପା-ଜେଜେମାମାନେ, ନନା, ବୋଉ, ପିଇସା, ପିଇସିମାନେ, କାକାମାନେ, ଅଜା, ଆଈ, ମାମୁମାନେ, ମାଇଁ, ବନ୍ଧୁ ଓ ପରିବାରବର୍ଗ।
ଧ-୬୫୮୭୯

## ସଂକ୍ଷେପରେ

### ମହା ବିଷୁବ ସଂକ୍ରାନ୍ତି ପାଳିତ

ବାଲିକୁଦା,୧୪।୪(ସ୍ୱ.ପ୍ର.): ପ୍ରତ୍ୟେକ ଓଡ଼ିଆଙ୍କ ଘରେ ଓଡିଆ ନବବର୍ଷ ଓ ମହା ବିଷୁବ ସଂକ୍ରାନ୍ତି ପାଳିତ ହୋଇଛି। ଘରର ଚଉରା(ବୃନ୍ଦାବତୀ)ଙ୍କ ପାଖରେ ବିଶେଷ ପୂଜାର୍ଚ୍ଚନା କରାଯାଇଛି। ଚଉରା ଉପରେ ଗବ ଡାଳ ଓ ନଡିଆ ବାହୁଙ୍ଗାର ଚାମୁଣ୍ଡିଆ କରାଯାଇ ସେଥିରେ ଏକ ଛୋଟ ଛିଦ୍ରଥିବା ମାଟି ପାତ୍ରର ଘଡ଼ି ଝୁଲାଯାଇ ପୂଜା କରାଯାଉଛି। ପରେ ଚଉରା ମୂଳରେ ବିଭିନ୍ନ ସୁସ୍ୱାଦୁ ଦ୍ରବ୍ୟର ମିଶ୍ରଣରେ ପଣା କରାଯାଇ ବଣ୍ଟନ କରାଯାଇଥିଲା। ହନୁମାନ ମନ୍ଦିରରେ ବିଶେଷ ପୂଜା କରାଯାଇଛି। ବାଲିକୁଦା ପୂଜ୍ୟପୂଜା ସଂସଦ ପକ୍ଷରୁ ଓଡିଆ ନବ ବର୍ଷ ଓ ବିଷୁବ ମିଳନ ପାଳିତ ହୋଇଛି। ସଂସଦର ସଭାପତି କୈଳାସ ବିଶ୍ୱାଳଙ୍କ ଅଧକ୍ଷତାରେ ସ୍ଥାନୀୟ ବାଲିମଠ ଠାରେ ଏକ ଉତ୍ସବ କରାଯାଇଥିଲା। ଏଥିରେ ବିଷ୍ଣୁ ଚରଣ ସ୍ୱାଇଁ ଅତିଥି ଭାବେ ଯୋଗଦେଇ ଓଡିଆ ନବ ବର୍ଷର ତାତ୍ପର୍ଯ୍ୟ ସମ୍ପର୍କରେ କହିଥିଲେ। ସମ୍ପାଦକ ଅରୁଣ କୁମାର ମହାନ୍ତି, ଯୁଗ୍ମ ସମ୍ପାଦକ ବାବନ ଚରଣ ସ୍ୱାଇଁ, ବାଲିକୁଦ ବ୍ଲକ ପ୍ରାଥମିକ ଶିକ୍ଷକ ସଂଘର ପୂର୍ବତନ ସଭାପତି ଶିକ୍ଷାବିତ୍ ଗନ୍ଧର୍ବ ଚରଣ ସାଉ, ସଙ୍ଗଠନ ସମ୍ପାଦକ ପବିତ୍ର ମୋହନ ସାଉ, ସରୋଜକାନ୍ତ ସ୍ୱାଇଁ, ପ୍ରଫୁଲ ଷଡ଼ଙ୍ଗୀ, ସ୍ମିତା ଦାସ, ଜନତା ଉଚ୍ଚ ବିଦ୍ୟାଳୟ ପୁରାତନ ଛାତ୍ର ସଂସଦ ସଭାପତି ମନୁଚରଣ ନାୟକ, କୋଷାଧକ୍ଷ ଭାଗ୍ୟଧର ବେହେରା, ଅଧାପକ ଅଶୋକ ସାମଲ ପ୍ରମୁଖ ଯୋଗ ଦେଇଥିଲେ। ରଞ୍ଜନ ମହାନ୍ତି ଧନ୍ୟବାଦ ଦେଇଥିଲେ।

### ଦଳିତ ବିକାଶ ପରିଷଦ ପକ୍ଷରୁ ଆମ୍ବେଡ଼କର ଜୟନ୍ତୀ

ବାଲିକୁଦା,୧୪।୪(ସ୍ୱ.ପ୍ର.): ଜିଲା ଦଳିତ ବିକାଶ ପରିଷଦ ପକ୍ଷରୁ ବାବା ସାହେବ ଡ. ଭୀମରାଓ ଆମ୍ବେଡ଼କରଙ୍କ ୧୨୮ତମ ଜୟନ୍ତୀ ପାଳିତ ହୋଇଛି। ଓଡ଼ିଶା ରିପବ୍ଲିକାନ ପାର୍ଟି ରାଜ୍ୟ ସଭାପତି ସେଖ୍ ଅବଦୁଲୱାଲି ଏଥିରେ ମୁଖ୍ୟଅତିଥି ଭାବେ ଯୋଗଦେଇ ଆମ୍ବେଡକରଙ୍କ ଜୀବନୀ ସମ୍ପର୍କରେ ଆଲୋକପାତ କରିଥିଲେ। ପରିଷଦ ସଭାପତି ଶଙ୍କର ଦାସଙ୍କ ଅଧକ୍ଷତାରେ ବାଲିକୁଦା ଉପନିବନ୍ଧକଙ୍କ କାର୍ଯ୍ୟାଳୟ ନିକଟ ପଡିଆରେ ଏହି ସଭା କରାଯାଇଥିଲା। ଏଥିରେ ଜାତୀୟ ମାନବାଧିକାର ସଙ୍ଗଠକ ରବିନାରାୟଣ ନାୟକ, ଆମ୍ବେଡ଼କର ସାମାଜସେବୀ ମହାସଂଘ ରାଜ୍ୟ ସାଧାରଣ ସମ୍ପାଦକ ବୀରେନ୍ଦ୍ର କୁମାର ନାୟକ, ସାମାଜିକ କର୍ମୀ ମହେନ୍ଦ୍ର ନାୟକ, ଶିକ୍ଷାବିତ୍ ଗଣେଶ୍ୱର ହାଂସଦା, ଜିଲା ଦଳିତ ବିକାଶ ପରିଷଦ ସାଧାରଣ ସମ୍ପାଦକ ଅକ୍ଷୟ କୁମାର ମଲ୍ଲିକ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ। ଏହି ଅବସରରେ ଦଳିତ ମହିଳାମାନେ ବାଲିକୁଦା କାଠଗୋଲା ଛକଠାରୁ ଏକ ଶୋଭାଯାତ୍ରାରେ ବାହାରି ତହସିଲଛକ ଦେଇ ସଭାସ୍ଥଳକୁ ଆସିଥିଲେ।

ଆଗାମୀ ଓଡ଼ିଶା ପକ୍ଷରୁ ରାଜ୍ୟସ୍ତରୀୟ ବିଷୁବ ସମାରୋହ

# ମା’ ମାଟି ପ୍ରତି ମମତା ଜାଗିଲେ ଭାଷା ବଞ୍ଚିବ

ରଘୁନାଥପୁର,୧୪।୪(ଡି.ଏନ୍.ଏ.)



ବିଷୁବ ସାରସ୍ୱତ ସମାରୋହରେ ମଞ୍ଚାସୀନ ଅତିଥିମାନେ।

ଓଡ଼ିଶାବାସୀଙ୍କ ପାଇଁ ମା’ର ସ୍ନେହ ଓ ମାଟିର ବାସ୍ନା ଭରପୂର ରହିଛି ହେଲେ ଓଡ଼ିଆ ଜାତିର ପ୍ରୀତି ଧୀରେ ଧୀରେ ସମ୍ପ୍ରସାରିତ ହୋଇ ପାଶ୍ଚାତ୍ୟ ଭାଷାର ପ୍ରେମରେ ପଡିଯାଇଛି। ଯେଉଁ ଦିନ ମା’ ମାଟି ପ୍ରତି ଓଡ଼ିଆ ଜାତିର ମମତା ଜାଗିବ ଭାଷା ନିଶ୍ଚିତ ଭାବେ ବଞ୍ଚି ରହିବ। ହେଲେ ଏଥିପାଇଁ ଦୃଢ ଇଚ୍ଛାଶକ୍ତି ଓ ଓଡ଼ିଆ ଜାତି ସଙ୍ଗଠିତ ହେବା ଅତ୍ୟନ୍ତ ଜରୁରୀ। ଜାତୀୟ ଭାଷା ସାହିତ୍ୟ ଓ ସାଂସ୍କୃତିକ ଅନୁଷ୍ଠାନ ଆଗାମୀ ଓଡ଼ିଶା ପକ୍ଷରୁ ରଘୁନାଥପୁର ନିକଟସ୍ଥ କଲରାବାଙ୍କ ନୀଳିମାରାଣୀ ସଭାଗୃହରେ ମହାବିଷୁବ ସଂକ୍ରାନ୍ତି ଉପଲକ୍ଷେ ଆୟୋଜିତ ରାଜ୍ୟସ୍ତରୀୟ ବିଷୁବ ସାରସ୍ୱତ ସମାରୋହରେ ଭାଷାବିତ୍ ପ୍ରଫେସର ଶାନ୍ତନୁ ଆଚାର୍ଯ୍ୟ ମୁଖ୍ୟଅତିଥି ରୂପେ ଯୋଗଦେଇ ଏହା କହିଥିଲେ। ଆଗାମୀ ଓଡ଼ିଶାର ସଭାପତି ବିଜୟ କୁମାର ସ୍ୱାଇଁଙ୍କ ପୌରୋହିତ୍ୟରେ ଆୟୋଜିତ ଉତ୍ସବରେ ସୁଲେଖିକା ଡ. ସଂଘମିତ୍ରା ମିଶ୍ର, ଗାଳ୍ପିକ ଭାଗୀରଥି ଦାସ, ବିଶ୍ୱ ଓଡ଼ିଆ ସଙ୍ଗଠନର ସଭାପତି ଡ. ସୁରେନ୍ଦ୍ରନାଥ ମହାପାତ୍ର, ସାମାଜିକ କର୍ମୀ କ୍ଷୀତିଶ ପାତ୍ର, ପୂର୍ବତନ ବୋର୍ଡ ଉପନିର୍ଦ୍ଦେଶକ ରବୀନ୍ଦ୍ର କୁମାର ମହାପାତ୍ର ଓ ମାନସ ଅଧାପକ ଶରତ କୁମାର ରାଉତରାୟ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଭାଷା ସାହିତ୍ୟ ପ୍ରତି ଅନୁରାଗୀ ହେବା ସହ ପ୍ରତ୍ୟେକ ପରିବାର, ଶିକ୍ଷକ ବିଶେଷ କରି ମହିଳାମାନେ ଏଥିପ୍ରତି ଦାୟିତ୍ୱବାନ୍ ହେବା ପାଇଁ ପରାମର୍ଶ ରଖିଥିଲେ। ଏହି ଅବସରରେ ଅନୁଷ୍ଠାନ ପକ୍ଷରୁ ପ୍ରଫେସର ଆଚାର୍ଯ୍ୟଙ୍କୁ ଶ୍ରେଷ୍ଠ ଓଡ଼ିଆ ଓ ସୁଲେଖିକା ଡ. ମିଶ୍ରଙ୍କୁ ବିଷୁବ ସାହିତ୍ୟ ସମ୍ମାନ ପ୍ରଦାନ କରାଯାଇଥିଲା। ଏହାଛଡ଼ା ସମସ୍ତ ଅତିଥିବୃନ୍ଦଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଦୀର୍ଘ ୧୮ ବର୍ଷ ଧରି ଭାଷା ସାହିତ୍ୟର ସମୃଦ୍ଧି ପାଇଁ କାର୍ଯ୍ୟ କରି ଆସୁଥିବା ଅନୁଷ୍ଠାନ ଆଗାମୀ ଓଡ଼ିଶାର ସଭାପତି ସ୍ୱାଇଁ ଓ କର୍ମକର୍ତ୍ତାଙ୍କୁ ପ୍ରଫେସର ଆଚାର୍ଯ୍ୟ ଭୂୟସୀ ପ୍ରଶଂସା କରିଥିଲେ। କାର୍ଯ୍ୟକ୍ରମରେ ରାଜ୍ୟପାଳ ପୁରସ୍କାର ପ୍ରାପ୍ତ ଶିକ୍ଷକ ସୁରେଶ ଚନ୍ଦ୍ର ରାଉତ ସ୍ୱାଗତ ଭାଷଣ, ସମ୍ପାଦକ ଆଶିଷ ଚକ୍ରବର୍ତ୍ତୀ ଅତିଥି ପରିଚୟ, ପ୍ରଫୁଲ୍ଲ କୁମାର ମିଶ୍ର, ଅବସରପ୍ରାପ୍ତ କଲେଜ ଅଧକ୍ଷ ରମାରଞ୍ଜନ ସ୍ୱାଇଁ ଓ ଅଜୟ ଦାସ, ଶିକ୍ଷାବିତ୍ ପ୍ୟାରୀମୋହନ ପଟ୍ଟନାୟକ, ଯଦୁନାଥ ଜେନା, ନିରଞ୍ଜନ ପାତ୍ର, ଅବସରପ୍ରାପ୍ତ ବିଆରସିସି ସଦାଶିବ ବିଶ୍ୱାଳଙ୍କ ସମେତ ବହୁ ବ୍ୟକ୍ତି ଯୋଗଦେଇ ନିଜର ବକ୍ତବ୍ୟ ରଖିଥିଲେ। କଲରାବାଙ୍କ ହାଇସ୍କୁଲ ଛାତ୍ରୀଛାତ୍ରମାନେ ଉପସ୍ଥିତ ରହି ଏଥିରେ ସହଯୋଗ କରିବା ସହ ଓଡ଼ିଆ ନବବର୍ଷରେ ସମସ୍ତ ଅତିଥିବୃନ୍ଦ ସ୍ୱାଗତ କରିଥିଲେ।



## ଢଗଢମାଳି

(କ୍ରମେ ଲୋକମୁଖରୁ ଓ ଜନମାନସରୁ ବିସ୍ମୃତ ହେଉଥିବା ଢଗଢମାଳିକୁ ପାଠିକା-ପାଠକଙ୍କ ନିକଟରେ ପହଞ୍ଚାଇବା ସକାଶେ ଧରିତ୍ରୀର ପ୍ରୟାସ)

**ନଈ ଶୁଖିଲେ କି କରଇ ନାଆ,
ଥନ ଶୁଖିଲେ କି କରଇ ମା’।**

ନଈ ଶୁଖିଗଲେ ଡଙ୍ଗା ବା ନାହା ଯାଇପାରି ନ ଥାଏ। ନଈରେ ପାଣି ଆସିବା ଯାଏ ଗୋଟିଏ ଜାଗାରେ ପଡ଼ିରହିଥାଏ। ସେହିପରି ଥନରୁ କ୍ଷୀର ଶୁଖିଗଲେ ମାଆ ତା’ର ସନ୍ତାନକୁ କ୍ଷୀର ଦେଇପାରି ନ ଥାଏ। ପରୋକ୍ଷରେ ପ୍ରତିକୂଳ ପରିସ୍ଥିତି ଆଗରେ ମଣିଷ ହାର ମାନିଥାଏ। କଳକୌଶଳ ଖଞ୍ଜିବାର ସବୁବାଟ ବନ୍ଦ ହୋଇଯାଉଥିବା ଅର୍ଥରେ ଏଭଳି ଉକ୍ତି ଉଲ୍ଲେଖ କରାଯାଇଛି।

**ନାହିଁ କୁ ଉପାୟ ନାହିଁ,
ମଲାକୁ ଔଷଧ ନାହିଁ।**

ଯିଏ ସବୁବେଳେ ସବୁ କଥାରେ ନାହିଁ ନାହିଁ କରେ ସେଭଳି ବ୍ୟକ୍ତିକୁ ମନେଇ ତା’ଦ୍ୱାରା କାର୍ଯ୍ୟ କରାଇବା କାଠିକର ପାଠ ହୋଇଯାଇଥାଏ। କାରଣ ବିନା ଇଚ୍ଛାଶକ୍ତିରେ କୌଣସି କାର୍ଯ୍ୟ ସଫଳ ହୋଇପାରି ନ ଥାଏ। ଏପରି ବ୍ୟକ୍ତିଙ୍କ ଉପରେ କରାଯାଉଥିବା ସକଳ ପ୍ରଚେଷ୍ଟା ବ୍ୟର୍ଥ ପ୍ରମାଣିତ ହୋଇଥାଏ। ସେହିପରି ଯେତେ ଚେଷ୍ଟା କଲେ ମଧ ମଲା ଲୋକକୁ ବଞ୍ଚାଇ ପାରିବା ସମ୍ଭବପର ହେଉ ନ ଥିବା ଅର୍ଥରେ ଏଭଳି ଉକ୍ତି ପ୍ରକାଶ କରାଯାଇଛି।

ନିର୍ବାଚିତ ଢଗଢମାଳି, ପ୍ରବାଦ, ପ୍ରବଚନ ଓ ଅନ୍ୟାନ୍ୟ
-ପ୍ରାଚୀ ସାହିତ୍ୟ ପ୍ରତିଷ୍ଠାନ

# ବିଭିନ୍ନ ସ୍ଥାନରେ ରାମ ନବମୀ


ଏରସମାରେ ଶ୍ରୀରାମ ନବମୀ ଅବସରରେ ପୂଜା କରାଯାଉଛି।

ଏରସମା,୧୪।୪(ସ୍ୱ.ପ୍ର.)

ଏରସମା ବ୍ଲକ ପଏଦା ପଞ୍ଚାୟତସ୍ଥିତ ପଦନୀ ରାମ ମନ୍ଦିରରେ ଶ୍ରୀରାମ ନବମୀ ଓ ହନୁମାନ ଜୟନ୍ତୀ ପାଳିତ ହୋଇଛି। ସେହିପରି ଏରସମା ପଞ୍ଚାୟତ ସିହା ଗ୍ରାମରେ ହନୁମାନ ଜୟନ୍ତୀ ଓ ଝାମୁଯାତ୍ରା ହେଉଛି। ନରେନ୍ଦ୍ର କୁମାର ସ୍ୱାଇଁଙ୍କ ତତ୍ତ୍ୱାବଧାନରେ ହନୁମାନ ମନ୍ଦିରରେ ପ୍ରଭାତରୁ ସୂର୍ଯ୍ୟପୂଜା, କଳସ ଶୋଭାଯାତ୍ରା, ଅଙ୍କୁରାରୋପଣ ପରେ ଶୋଡ଼ଷ ଉପଚାରରେ ପୂଜାର୍ଚ୍ଚନା କରାଯାଇଥିଲା। ଏଥିସହିତ ଉତ୍ତରେଶ୍ୱରୀଙ୍କ ପୀଠରେ ପ୍ରଭାତରୁ ପୂଜାର୍ଚ୍ଚନା ପରେ ସକାଳ ୫ଟାରେ ଶ୍ରଦ୍ଧାଳୁଙ୍କ ଦର୍ଶନ ପାଇଁ ଦ୍ୱାର ଉନ୍ମୁକ୍ତ କରାଯାଇଥିଲା। ରାତିରେ ରାମଲୀଳା ଯାତ୍ରା ହେବ ବୋଲି ପରିଚାଳକ ସ୍ୱାଇଁ ଜଣାଇଛନ୍ତି। ଏହାକୁ ବିଚିତ୍ର କୁମାର ସ୍ୱାଇଁ, ଆଶିଷ କୁମାର ସ୍ୱାଇଁ, ଶୁକଦେବ ସେଠୀ, ପ୍ରତାପ କେଶରୀ ସ୍ୱାଇଁ, ରଞ୍ଜନ କୁମାର ଖଣ୍ଡୁଆଳ, ନିକୁଞ୍ଜ କିଶୋର ସ୍ୱାଇଁ ପ୍ରମୁଖ ପରିଚାଳନା କରୁଛନ୍ତି।

# ଆଷାଢ ସାହିତ୍ୟ ସଂସଦର ବିଷୁବ ଆସର

ବିରିଡି/ବାଲିଆ,୧୪।୪(ଡି.ଏନ.ଏ)


କୃତୀ ପ୍ରତିଭାଙ୍କୁ ଅତିଥି ସମ୍ମାନିତ କରୁଛନ୍ତି।

ବିରିଡ଼ି ବ୍ଲକ ଦଳେଇଘାଇ ସ୍ଥିତ ଆଷାଢ ସାହିତ୍ୟ ସଂସଦର ବିଷୁବ ଆସର ରବିବାର ମହାପୁରୁଷ ପଞ୍ଚସଖାଙ୍କ ସାଧନା ପୀଠ ଧାନକୁଦଠାରେ ଅନୁଷ୍ଠିତ ହୋଇଛି। ପୀଠାଧିଶ ବାବା ଅରକ୍ଷିତ ଦାସ ଉତ୍ସବ ଉଦ୍‌ଘାଟନ କରିଥିଲେ। ଉତ୍ସବ କମିଟି ଅଧକ୍ଷ ନୀଳମଣି ସାହୁଙ୍କ ଅଧକ୍ଷତାରେ ଅନୁଷ୍ଠିତ ସଭାରେ ବରେଣ୍ୟ ଅତିଥି ଭାବେ ଜଗତସିଂହପୁର ସାହିତ୍ୟ ସଂସଦ ସଭାପତି କବି ଅଜୟ ବେହେରା, କବି ବିଭୂତି ରାୟ, କାଦମ୍ବିନୀ ପରିଜା, ମହାସ୍ମିତା ଓଝା, କାମିନୀବାଳା ବୀରା, ଛବିଲତା ପତି, ପ୍ରିୟତମା ସାହୁ, ପ୍ରଶାନ୍ତ କୁମାର ସାହୁ ପ୍ରମୁଖ ଯୋଗ ଦେଇ ବିଷୁବ ସଂକ୍ରାନ୍ତିର ମାହାତ୍ମ୍ୟ ସମ୍ପର୍କରେ କହିଥିଲେ। ସୌମେନ୍ଦ୍ର ମହାପାତ୍ର ଓ ସନ୍ତୋଷୀ ସାହୁଙ୍କ ସଂଯୋଜନାରେ କବିତା ପାଠ କରାଯାଇଥିଲା। ଏହି ଅବସରରେ କବି ଉମାକାନ୍ତ ନାୟକଙ୍କୁ ବିଷୁବ ସମ୍ମାନ, ସାମାଜିକ କର୍ମୀ ବିଜୟ କୁମାର ମିଶ୍ରଙ୍କୁ ମାୟାଧର କର ସ୍ମୃତି ସମ୍ମାନ, କବି କ୍ଷୀରୋଦ ଚନ୍ଦ୍ର ସେଠୀଙ୍କୁ ବଂଶୀଧର ସ୍ମୃତି ସମ୍ମାନ, କବି ପ୍ରମିଳା ପତିଙ୍କୁ ନିର୍ମଳା ମହାପାତ୍ର ସ୍ମୃତି ସମ୍ମାନ ଓ ଲକ୍ଷ୍ମୀ ଦାଶଙ୍କୁ ମାଳତୀ କର ସ୍ମୃତି ସମ୍ମାନ ପ୍ରଦାନ କରାଯାଇଥିଲା। ସଂସଦର ସଭାପତି କବି ପୀତାମ୍ବର ମହାପାତ୍ର ସ୍ୱାଗତ ଭାଷଣ ଓ ସମ୍ପାଦକ ଖଗେଶ୍ୱର ମହାରଣା ବିବରଣୀ ପାଠ କରିଥିଲେ। କବି ବନମାଳୀ ବେହେରା ଧନ୍ୟବାଦ ଅର୍ପଣ କରିଥିଲେ। ଉପସଭାପତି କୁନ୍ତଳା ମହାପାତ୍ର, ଅଭିଷେକ ସନ୍ଦେଶ ମହାପାତ୍ର ଓ ସନ୍ଦୀପ ମହାପାତ୍ର ପରିଚାଳନା କରିଥିଲେ।

# ଋଗ୍‌ବେଦ ପାରାୟଣ ଗାୟତ୍ରୀ ମହାଯଜ୍ଞ

ଏରସମା,୧୪।୪(ସ୍ୱ.ପ୍ର.)

ଏରସମା ବ୍ଲକ ଜିରାଇଲୋ ପଞ୍ଚାୟତସ୍ଥିତ ନାଉବେଲାରୀ ଗ୍ରାମର ଦକ୍ଷିଣେଶ୍ୱର ମହାଦେବଙ୍କ ପୀଠରେ ରବିବାର ଋଗ୍‌ବେଦ ପାରାୟଣ ଓ ଗାୟତ୍ରୀ ମହାଯଜ୍ଞ ଆରମ୍ଭ ହୋଇଛି। ଦକ୍ଷିଣେଶ୍ୱର ବୈଦିକ ବିଚାର ମଞ୍ଚ ପକ୍ଷରୁ ଆୟୋଜିତ ଏହି କାର୍ଯ୍ୟକ୍ରମରେ ପ୍ରଭାତରୁ ଜାଗରଣ ମନ୍ତ୍ର ପାଠ ପରେ ୧୦୮ କଳସ ଶୋଭାଯାତ୍ରା ହୋଇଥିଲା। ସିଦ୍ଧ ଶୁରେନ୍ଦ୍ର ଦାଶ ଓମ୍ ଧ୍ୱଜା ଉତ୍ତୋଳନ କରିଥିଲେ। ଆଚାର୍ଯ୍ୟ ଦେବବ୍ରତଜୀ, ଭୁବନେଶ୍ୱର ଆର୍ଯ୍ୟ ସମାଜର ବେଦ ପ୍ରବକ୍ତା ପଣ୍ଡିତ ଅମୂଲ୍ୟ ଦାଶ, କଟକ ସଂସ୍କୃତ ଭାରତୀର ସଭାପତି ପଣ୍ଡିତ ନୃସିଂହ ଚରଣ ପଣ୍ଡା, ପଣ୍ଡିତ ରଞ୍ଜନ କୁମାର ବିଦ୍ୟାର୍ଥୀ, ଯୋଗାଚାର୍ଯ୍ୟ ଧର୍ମଦେବ ବାନପ୍ରସ୍ଥୀ ପଣ୍ଡିତ ସମୀର ରଞ୍ଜନ ଦାଶ, କୈଳାସମୁନୀ ବାନପ୍ରସ୍ଥୀ ନରୁଆ କନ୍ୟାଶ୍ରମର ପରିଚାଳିକା ନମିତା ନନ୍ଦ, ନଟବର ସ୍ୱାଇଁ ପ୍ରମୁଖ ଉପସ୍ଥିତ ଥିଲେ। ମନ୍ଦିର ପରିସରରେ ବୃକ୍ଷ ରୋପଣ ପରେ ଯଜ୍ଞ ଆରମ୍ଭ ହୋଇଥିଲା।

# ମହାବୀରଙ୍କ ବୋରିକ ମେଳଣ, କାଳିଶି ଯାତ୍ରା

ବିରିଡି,୧୪।୪(ଡି.ଏନ.ଏ)

ହନୁମାନ ଜୟନ୍ତୀ ଅବସରରେ ବିରିଡି ବ୍ଲକ ଉତ୍ତର ଶାସନ ପଞ୍ଚାୟତର ଇଷ୍ଟଦେବ ମହାବୀର ହନୁମାନଙ୍କ ଚଳନ୍ତି ବିଗ୍ରହ ଦୋଳ ବିମାନରେ ରବିବାର ବିଭିନ୍ନ ଗ୍ରାମ ପରିକ୍ରମା କରିଛନ୍ତି। ପରେ ସନ୍ଧ୍ୟାରେ ମନ୍ଦିରରୁ କାଳିସୀ ବାହାରି ଶୋଭାଯାତ୍ରାରେ ବୋରିକ ମେଳଣ ପଡିଆକୁ ଯାଇଥିଲେ। ତିନିଦିନ ଧରି ଏଠାରେ ଯାତ୍ରା ଅନୁଷ୍ଠିତ ହେବ ବୋଲି ମହାବୀର ଯାତ୍ରା କମିଟି ସଦସ୍ୟମାନେ କହିଛନ୍ତି। ସେହିପରି ତେନ୍ତେଲା ସାହି, ଗୁରୁଡି ସାହି, ଦକ୍ଷିଣୀ ସାହି, ଟୁବି ସାହି, ଟୁବି ମଳିକ ସାହି, ପଥର ଦୁଠ, ଗୁଲି ବରଦା, କାଣ୍ଡି ସାହି, ବାଲି ସାହି ଓ ହାଜିପୁର ପଞ୍ଚାୟତର ବଗୁଲା କମା ଶାସନର ଦୋଳ ବିମାନ ମେଳଣ ପଡିଆରେ ପହଞ୍ଚିଥିଲେ। ଅନୁରୂପ ଭାବେ ଶନିବାର ମହା ବିଷୁବ ସଂକ୍ରାନ୍ତୀ ଉପଲକ୍ଷେ ହାଜିପୁର, ହଳଦିଆପଡା, ଛାଷୀଖଣ୍ଡ, ବଡଖଣ୍ଡେଇତା, ଜୟଶୋଳ, ଗୋଠିଣା ସାଧୁବନ ପଡିଆ, ଅଢଙ୍ଗ ମଜୁରାଇ ବିଶେଶ୍ୱର ଭଞ୍ଜ, ଶ୍ରୀ ଶ୍ରୀ ସିଦ୍ଧ ହରିହର ମନ୍ଦିର, ଗରୁଆଳ ଠାରେ ଥିବା ହନୁମାନଙ୍କ ମନ୍ଦିରରେ ଆଧାତ୍ମିକ କାର୍ଯ୍ୟକ୍ରମ କରାଯାଇଛି।

# ରାମ ଚରିତ ମାନସ ନବାହ୍ନ ପାରାୟଣ

ଏରସମା,୧୪।୪(ସ୍ୱ.ପ୍ର.)

ଏରସମା ବ୍ଲକ ସଦରମହକୁମାସ୍ଥିତ ରଜ ମହୋତ୍ସବ ପଡିଆରେ ରବିବାର ଶ୍ରୀରାମ ଚରିତ ମାନସ ନବାହ୍ନ ପାରାୟଣ ଜ୍ଞାନଯଜ୍ଞ ସମିତି ପକ୍ଷରୁ ସପ୍ତବିଂଶତମ ବାର୍ଷିକ ଉତ୍ସବ ଆରମ୍ଭ ହୋଇଛି। ପ୍ରଭାତରୁ ସୂର୍ଯ୍ୟପୂଜା, ଜଳାଭିଷେକ, ଶ୍ରୀଜୀଉଙ୍କ ବିଗ୍ରହ ପ୍ରତିଷ୍ଠା, ପୂର୍ଣ୍ଣକୁମ୍ଭ ସ୍ଥାପନ ଓ ମାନସ ପାରାୟଣ କରାଯାଇଥିଲା। ପ୍ରଥମ ଦିନରେ ପଣ୍ଡିତ ନିରଞ୍ଜନ ଦାଶ ପ୍ରବଚନ ଦେଇଥିଲେ। ଧିରେନ୍ଦ୍ର ଚୌଧୁରୀ, ନିର୍ଲିପ୍ତ ଜେନା, ଦିଲୀପ କୁମାର ଦାଶ, ପ୍ରଭାକର ଗଛାୟତ, ଅମ୍ବିକା ପ୍ରସାଦ ମହାନ୍ତି, ଦୈତାରୀ ଭୋଳ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ଶାରଳା ପୀଠରେ ଝାମୁ, ୩୦ ହଜାର ଶ୍ରଦ୍ଧାଳୁଙ୍କ ସମାବେଶ


ଝଙ୍କଡ଼ ଶାରଳାଙ୍କ ପୀଠରେ ଘଟ ପାଟୁଆମାନେ ନୃତ୍ୟ ପରିବେଷଣ କରୁଛନ୍ତି।

ତିର୍ତ୍ତୋଲ,୧୪।୪(ଡି.ଏନ.ଏ.)

ତିର୍ତ୍ତୋଲ ବ୍ଲକ କନକପୁରସ୍ଥିତ ଝଙ୍କଡ ଶାରଳାଙ୍କ ପୀଠରେ ରବିବାର ମହାବିଷୁବ ସଂକ୍ରାନ୍ତିରେ ଝାମୁଯାତ୍ରା ପାଳିତ ହୋଇଛି। ଏଥିପାଇଁ ପୀଠରେ ୩୦ ହଜାର ଶ୍ରଦ୍ଧାଳୁଙ୍କ ସମାବେଶ ହୋଇଥିଲା। ପ୍ରତ୍ୟୁଷରୁ ମା’ଙ୍କ ପହୁଡ ଖୋଲିବା ପରେ ପୀଠ ଚଳଚଞ୍ଚଳ ହୋଇଉଠିଥିଲା। ଶ୍ରଦ୍ଧାଳୁମାନେ ମା’ଙ୍କ ନିକଟରେ ପାରମ୍ପରିକ ପଣା ଭୋଗ କରିଥିଲେ। ମଧ୍ୟାହ୍ନରେ ଶାରଳାଙ୍କ ବିଜେ ପ୍ରତିମାକୁ ଶୋଭାଯାତ୍ରାରେ ପ୍ରାଚୀନ ବିଜେ ସ୍ଥଳୀ ନଣ୍ଡା ଦେଉଳକୁ ନିଆଯାଇଥିଲା। ସେଠାରେ ପୂଜାର୍ଚ୍ଚନା ପରେ ଝାମୁ ଯାତ୍ରା ହୋଇଥିଲା। ଟ୍ରାଫିକ ନିୟନ୍ତ୍ରଣ ପାଇଁ ମନ୍ଦିରକୁ ରହିଥିବା ଦଇ ମୁଖ୍ୟ ରାସ୍ତା ଶାରଳା ରୋଡ-କନକପୁର ରାସ୍ତାର ବସନ୍ତ ବଗିଚା ଏବଂ ସଅଁରା-କନକପୁର ରାସ୍ତାର ସାରଦା ଏକାଡେମୀ ନିକଟରେ ପାର୍କିଂ ବ୍ୟବସ୍ଥା କରାଯାଇଥିଲା।


## CLASSIFIED DISPLAY

TARIFF — MORE SPACE • SAME PRICE — GST 5%

| For Single Day | | For 7 Days | | For 15 Days | | For 30 days | |
|---|---|---|---|---|---|---|---|
| 6 x 4 | 12 x 4 | 6 x 4 | 12 x 4 | 6 x 4 | 12 x 4 | 6 x 4 | 12 x 4 |
| 1,500.00 | 2,000.00 | 6,000.00 | 12,000.00 | 12,000.00 | 25,000.00 | 20,000.00 | 40,000.00 |

ALL EDITION - B/W (Every Day)
for Booking Contact:
0674-2580385, 7894447148, 7894447131, 9337021532, 7894447167, 7894447165

!!ଋଣ ଋଣ ଋଣ!!
ଗୁରୁ କୃପା ଫାଇନାନ୍ସ
ଜନକଲ୍ୟାଣ ଯୋଜନା ଅଧୀନରେ ଋଣ
୧,୦୦,୦୦୦-୯୦,୦୦,୦୦୦ ପର୍ଯ୍ୟନ୍ତ ଋଣ
ଆଗେ ଆସନ୍ତୁ ଆଗେ ପାଆନ୍ତୁ
୦% ସୁଧ ୪୫% ରିହାତି
ମାର୍କଶିଟ୍, ପ୍ରପର୍ଟି, ଏଗ୍ରିକଲ୍ଚର୍, ଭାଟି, ସମସ୍ତ ଋଣ ୧ ଦିନରେ
ମହିଳା/ବିଦ୍ୟାର୍ଥୀଙ୍କୁ ବିଶେଷ ରିହାତି
Toll Free
9115871031
Add. : T-51, Gali No. 8, Gautampuri, Delhi

FINANCE
ACB ଋଣ ଲିମିଟେଡ୍ ଭାରତର ସବୁଠୁ ବଡ କମ୍ପାନୀ ଦ୍ୱାରା ମାର୍କସିଟ, ଆଧାରକାର୍ଡ, କୃଷି ଓ ସମ୍ପତି, ବ୍ୟକ୍ତିଗତ, BPL ଋଣ ଘରେ ବସି ପାଆନ୍ତୁ।
0% ସୁଧ 50% ଛାଡ
No File Charge No Guarantor
Online Facility Available
Saharaganj Mall, Shahnajaf Rd, Lucknow, Uttar Pradesh 226001
9058692160
7467886694

ଋଣ ଋଣ ଋଣ
ବିଏଫ୍‌ସି ଫାଇନାନ୍ସ
୧ରୁ ୫୦ ଲକ୍ଷର ଋଣ
ଗୃହ ଋଣ, ମାର୍କଶିଟ୍, ପର୍ସନାଲ, ବିଜ୍‌ନେସ୍, କୃଷି, ବ୍ୟବସାୟ, ପ୍ରପର୍ଟି, କୁକୁଡ଼ା ପାଳନ, ଇଟା ଭାଟି, ଆଧାର କାର୍ଡ, ରାଶନ କାର୍ଡ, ସମୂହ ଋଣ
ବେରୋଜଗାର ଏବଂ ମହିଳାଙ୍କୁ ବିଶେଷ ରିହାତି
୧% ସୁଧ ୫୦% ରିହାତି
85058-11813
85058-50178
bharatloanonline@gmail.com
A-25 8th Floor, Ambadeep Building, Canaught Palace, New Delhi-110001

ଖର୍ଚ୍ଚ ଋଣ ମଞ୍ଜୁର ହେବା ପରେ
Dhanlaxmi Finance
(Registration- BG8855CH8814)
ମାର୍କଶିଟ୍, ପ୍ରପର୍ଟି, ଆଧାରକାର୍ଡ, ପର୍ସନାଲ, ସବୁ ଋଣ ମାତ୍ର 24 ଘଣ୍ଟାରେ ପାଆନ୍ତୁ। 2% ସୁଧ, 40% ରିହାତି ସହିତ। ସରକାରୀ କର୍ମଚାରୀଙ୍କ ପାଇଁ ବିଶେଷ ରିହାତି।
Helpline:
9499135756
Sadheisasan, Anakhia, Jagatsinghpur, Odisha. PIN-754102

B.C. FINANCE
ପର୍ସନାଲ LOAN, HOME, ବ୍ୟବସାୟିକ, ମାର୍କଶିଟ୍, ପ୍ରପର୍ଟି, କୁକୁଡା ପାଳନ, ଗାଇ, କୃଷି ଓ ଶିକ୍ଷା ସମସ୍ତ ପ୍ରକାର LOAN ୭ ଦିନ ମଧରେ ମିଳିବ। ସୁଧ 1%
:ADDRESS:
C-231, CM Camp Tigri, South Delhi- 110162, Kustuna, Sundargarh, Odish
8114631755
7894961299

FINANCE
ସ୍ୱୀକୃତୀପ୍ରାପ୍ତ ମୁଦ୍ରା ଯୋଜନା ଦ୍ୱାରା ମାର୍କସିଟ, କୃଷି, ଆଧାରକାର୍ଡ, ସମ୍ପତି, ଗୃହ ଓ ବ୍ୟକ୍ତିଗତ, BPL ଋଣ ମାତ୍ର ୪୫୦/- ଟଙ୍କାରେ ଘରେ ବସି ପାଆନ୍ତୁ।
ବାର୍ଷିକ 1% ସୁଧ 50% ଛାଡ
4th floor, 540, 100 Feet Rd, Krishna Reddy Layout, Amarjyoti Layout, Domlur, Bengaluru, Karnataka 560071
8698663544
8956667461

ଲକ୍ଷ୍ମୀ ଫାଇନାନ୍ସ (ରେଜି.)
କମ୍ପାନୀ ସବୁ ସରକାରୀ ବ୍ୟାଙ୍କ ଦ୍ୱାରା ମାର୍କଶିଟ୍, ପ୍ରପର୍ଟି, ପର୍ସନାଲ, ଗାଡ଼ି ଏବଂ ସମସ୍ତ ଋଣ ମାତ୍ର ୧୮ ଘଣ୍ଟାରେ, ୨% ସୁଧ, ୫୦% ରିହାତି।
(ମହିଳାଙ୍କୁ ବିଶେଷ ରିହାତି)
9511074590
9511074774
H.No. 249, Vill- SISWALA, Teh.- DADRI, Dist.- BHIWANI

ଭାରତର ନଂ.୧
INDUS NETWORK COMPANY
(Govt. Regd.) ଦ୍ୱାରା ନିଜର ଖାଲି ପଡ଼ିଥିବା ଜମିରେ ଡିଜିଟାଲ୍ ନେଟ୍‌ୱାର୍କ ଉପକରଣ ଲଗାନ୍ତୁ ଏବଂ ପାଆନ୍ତୁ ୭୦ ଲକ୍ଷ ଆଡ୍‌ଭାନ୍ସ + ୭୦,୦୦୦ ଭଡ଼ା + ଏଗ୍ରିମେଣ୍ଟ + ୧ ବାଇକ୍।
Helpline Numbers
9430834074
8709556494
House No.267, Friends Colony, New Delhi-6


ପାଠକଙ୍କ ପାଇଁ ସୂଚନା:
ଏହି ପୃଷ୍ଠାରେ ପ୍ରକାଶିତ କେତେକ ବିଜ୍ଞାପନକୁ ଭିତ୍ତିକରି କିଛି ପାଠକ ଠକାମିର ଶିକାର ହେଉଥିବା ଆମର ଦୃଷ୍ଟିଗୋଚର ହେଉଛି। ବିଜ୍ଞାପନ ଦେଇଥିବା ସଂସ୍ଥାମାନଙ୍କ ସହ କାରବାର କରିବା ପୂର୍ବରୁ ସବିଶେଷ ତଥ୍ୟ ଓ ନିଜର ବିବେକ ଖଟାଇ କାରବାର କରନ୍ତୁ। ଏଥିପାଇଁ ଧରିତ୍ରୀ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ।

ଜିଲ୍ଲା ପ୍ରତି ସ୍ୱତନ୍ତ୍ର ଧ୍ୟାନ
ଜୁହାର
ଜିଲ୍ଲାର ଦ୍ରୁତ ବିକାଶ
ବରଗଡ, ଝାରସୁଗୁଡା, ବଲାଙ୍ଗୀର, ସୁବର୍ଣ୍ଣପୁର ଏବଂ ବୌଦ୍ଧ ଜିଲ୍ଲାର ଦ୍ରୁତ ବିକାଶ ପାଇଁ 'ସ୍ୱତନ୍ତ୍ର ଉନ୍ନୟନ ପରିଷଦ'
ବିଜୁ ଜନତା ଦଳ
'ଶଙ୍ଖ' ଚିହ୍ନରେ ଭୋଟ୍ ଦେବା। ଦୁଇଥର।
ଥରେ ଏମ୍.ପି.ପାଇଁ। ଥରେ ଏମ୍.ଏଲ୍.ଏ ପାଇଁ।

## ସଂକ୍ଷେପରେ

### ସାନଗାଁରେ ରାମନବମୀ ଓ ୨୧ ଦିନିଆ ରାମଲୀଳା ଉଦ୍‌ଘାଟିତ



**ମାର୍ଶାଘାଇ,୧୪।୪ (ଡିଏନଏ) :** ମାର୍ଶାଘାଇ ଥାନା ଜୟଚନ୍ଦ୍ରପୁର ପଞ୍ଚାୟତ ସାନଗାଁ ଗ୍ରାମରେ ୪୧ତମ ରାମନବମୀ ପୂଜା ଓ ୨୧ ଦିନିଆ ରାମଲୀଳା ଶନିବାର ଉଦ୍‌ଘାଟିତ ହୋଇଛି। କଳସ ଶୋଭାଯାତ୍ରା କରାଯିବା ପରେ ରାମ ଲକ୍ଷ୍ମଣ ସୀତା ହନୁମାନଙ୍କ ମୃଣ୍ମୟ ମୂର୍ତ୍ତି ଗ୍ରାମର ପୂଜା ମଣ୍ଡପରେ ପୂଜା କରାଯାଉଛି। ୧୯୮୦ ମସିହାରେ ଗାଁରେ ବିଜୁଳି ନ ଥିବା ବେଳେ ଲଣ୍ଠନ ଓ ପେଟ୍ରୋମାକ୍ସ ଲାଇଟ ଜଳାଇ ରାତିରେ ରାମଲୀଳା ପରିବେଷଣ କରାଯାଉଥିଲା । ସେହି ପରମ୍ପରାକୁ ବଜାୟ ରଖି ଗ୍ରାମର ମିତ୍ରଶକ୍ତି କ୍ଲବର ସଦସ୍ୟମାନେ ମୃଣ୍ମୟ ମୂର୍ତ୍ତି ପୂଜା କରିବା ସହିତ ୨୧ ଦିନ ପର୍ଯ୍ୟନ୍ତ ରାମଲୀଳା ପରିବେଷଣ କରି ଆସୁଛନ୍ତି। ଲବକୁଶଙ୍କ ଜନ୍ମବୃତ୍ତାନ୍ତ ରାମଲୀଳାରେ ପରିବେଷଣ କରାଯିବା ପରେ ପୂଜାମଣ୍ଡପରେ ପୂର୍ଣ୍ଣାହୁତି ହେବ । ଏହାପରେ ମୂର୍ତ୍ତି ବିସର୍ଜନ କରାଯାଇ ପୂଜା ଉଦ୍‌ଯାପିତ ହେବାର କାର୍ଯ୍ୟକ୍ରମ ରହିଥିବା କ୍ଲବ ତରଫରୁ ସୂଚନା ଦିଆଯାଇଛି।

### ବିଶ୍ୱହିନ୍ଦୁ ପରିଷଦ, ବଜରଙ୍ଗ ଦଳର ଶୋଭାଯାତ୍ରା

**ପଟ୍ଟାମୁଣ୍ଡାଇ, ୧୪।୪ (ସ୍ୱ.ପ୍ର) :** ଓଡିଆ ନବବର୍ଷ ପାଳନ ଅବସରରେ ରବିବାର ପଟ୍ଟାମୁଣ୍ଡାଇ ପ୍ରଖଣ୍ଡର ବିଶ୍ୱହିନ୍ଦୁ ପରିଷଦ ଓ ବଜରଙ୍ଗ ଦଳ ପକ୍ଷରୁ ବିଶାଳ ଶୋଭାଯାତ୍ରା ଅନୁଷ୍ଠିତ ହୋଇଥିଲା । ବିଶ୍ୱହିନ୍ଦୁ ପରିଷଦ ଓ ବଜରଙ୍ଗ ଦଳର ନେତା ଓ କର୍ମୀମାନେ ବାଇକ ଶୋଭାଯାତ୍ରାରେ ବାହାରି ପଟ୍ଟାମୁଣ୍ଡାଇ ବଜାର ପରିକ୍ରମା କରିଥିଲେ । ବିଶ୍ୱହିନ୍ଦୁ ପରିଷଦର ପଟ୍ଟାମୁଣ୍ଡାଇ ପ୍ରଖଣ୍ଡ ସମ୍ପାଦକ ପ୍ରତାପ ଚନ୍ଦ୍ର ପାଢ଼ୀ, ସଭାପତି ଦେବାଶିଷ ପଣ୍ଡା, କାର୍ଯ୍ୟକାରୀ ସଭାପତି ଅମ୍ବୁଜ ନାୟକ, ସହ ସମ୍ପାଦକ ସରୋଜ ପଣ୍ଡା, ବଜରଙ୍ଗ ଦଳର ସଂଯୋଜକ ରବୀନ୍ଦ୍ର ମଲିକ, ସନାତନ ମହାନ୍ତି, ସୁବ୍ରତ ପଣ୍ଡା, ଉପେନ୍ଦ୍ର ମଲିକ, ଅମର ବାୟୀ, ଅଜିତ ମଲିକ, କୃପାସିନ୍ଧୁ ଭଦ୍ର, ଜ୍ୟୋତି ବିଶ୍ୱାଳ ପ୍ରମୁଖ ଶୋଭାଯାତ୍ରାରେ ନେତୃତ୍ୱ ନେଇଥିଲେ ।

# ଚୋରା ଚାଲାଣ ବେଳେ ଲକ୍ଷାଧିକ ଟଙ୍କାର କୋଇଲା ଜବତ

**ରାଜନଗର,୧୪।୪(ଡିଏନଏ)**

କେନ୍ଦ୍ରାପଡା ଜିଲାର ରାଜନଗର ଅଞ୍ଚଳ ଦେଇ କୋଇଲା ଚୋରା ଚାଲାଣ ଅବାଧରେ ଚାଲିଛି । ଶନିବାର ତାଳଚୁଆ ସାମୁଦ୍ରିକ ଥାନା ଓ ରାଜନଗର ଥାନା ପୋଲିସ ଦୁଇଟି ଚୋରା କୋଇଲା ବୋଝେଇ ଟ୍ରକ ଜବତ କରିଛି । ଏହି ଘଟଣାରେ ଦୁଇଟି ଗାଡିର ଡ୍ରାଇଭରଙ୍କୁ ଗିରଫ କରାଯାଇ ରବିବାର କୋର୍ଟ ଚାଲାଣ କରାଯାଇଛି। ଜବତ କୋଇଲାର ଆନୁମାନିକ ମୂଲ୍ୟ ପ୍ରାୟ ଲକ୍ଷାଧିକ ଟଙ୍କା ହେବ ବୋଲି କୁହାଯାଉଛି।

ଶନିବାର ରାତିରେ ନିର୍ବାଚନ ପାଇଁ ସ୍ଥାନୀୟ ପୋଲିସ ପାଟ୍ରୋଲିଂ କରିବା ବେଳେ ରାଜନଗର ମା'ତାରିଣୀ ମନ୍ଦିର ନିକଟରୁ କୋଇଲା ବୋଝେଇ ଏକ ୧୦ଚକିଆ ଟ୍ରକ ଜବତ କରିଥିଲା। ଜବତ ଟ୍ରକକୁ ଥାନାକୁ ନେଇ ପୋଲିସ ଡ୍ରାଇଭରକୁ ପଚରା ଉଚରା କରିବା ବେଳେ ଏହି ଚୋରା କୋଇଲା ଧାମରାରୁ ଡଙ୍ଗା ଯୋଗେ ଜଳପଥରେ ଆସି ଖୋଲା ନଦୀ ଘାଟ ନିକଟରେ ଓହ୍ଲାଇଥିଲା। ସେଠାରୁ ଟ୍ରକରେ ବୋଝେଇ ହୋଇ ଜଗତପୁର ଯାଉଥିଲା ବୋଲି ଡ୍ରାଇଭର କଟକ ଜିଲା ଖୁଣ୍ଟୁଣୀ ଅଞ୍ଚଳର ନିଲୁ ନାୟକ ପୋଲିସକୁ କହିଛନ୍ତି। ପୋଲିସ ଏହି ଟ୍ରକରୁ ୫୦କେଜିଆ ୪୦୦ବସ୍ତା ଗୁଣ୍ଡ କୋଇଲା ଜବତ କରିବା ସହ ଡ୍ରାଇଭରକୁ ଗିରଫ କରିଛି। ସେହିପରି ତାଳଚୁଆ ସାମୁଦ୍ରିକ ଥାନା ପୋଲିସ ପାଟ୍ରୋଲିଂ ବେଳେ ଶନିବାର ଭୋର ୪ ଟା ସମୟରେ ଖୋଳା ନିକଟ ବୈତରଣୀ ନଦୀପଠାରେ ଏକ ଟ୍ରକରେ କୋଇଲା ବୋଝେଇ ହେଉଥିବା ବେଳେ ଏହାକୁ ଜବତ କରିଥିଲେ। ପୋଲିସ ଟ୍ରକରେ ବୋଝେଇ ହୋଇଥିବା ପ୍ରାୟ ୨ ଶହ କୁଇଣ୍ଟାଲ କୋଇଲା ଜବତ କରିଛି । ଏ ନେଇ ତାଳଚୁଆ ସାମୁଦ୍ରିକ ଥାନାରେ ମାମଲା ରୁଜୁ ହୋଇଛି। ଏହି ଘଟଣାରେ ଢେଙ୍କାନାଳ ଅଞ୍ଚଳର ଗାଡି ଡ୍ରାଇଭର ଯଶୋବନ୍ତ ସେଠୀଙ୍କୁ ଗିରଫ କରାଯାଇଛି । ମିଳିଥିବା ସୂଚନା ଅନୁଯାୟୀ, ଏହି କୋଇଲା ଜାହାଜରେ ଧାମରା ବନ୍ଦରକୁ ଆସିଥାଏ। ଧାମରାରୁ ଟ୍ରେନ ଯୋଗେ ତାଳଚେର ଓ ଅନ୍ୟ ସ୍ଥାନକୁ



ତାରିଣୀ ମନ୍ଦିର ନିକଟରୁ ଜବତ ହୋଇଥିବା କୋଇଲା ବୋଝେଇ ଟ୍ରକ।

### ୨ ଜଣଙ୍କୁ କୋର୍ଟ ଚାଲାଣ

ଯାଇଥାଏ। ତେବେ ଟ୍ରେନ ଯୋଗେ କୋଇଲା ଯିବା ସମୟରେ କେତେକ ବ୍ୟକ୍ତି କୋଇଲା ଚୋରି କରି ବସ୍ତା କରିଥାନ୍ତି। ଚୋରା କୋଇଲା ବେପାରୀ ସେମାନଙ୍କ ଠାରୁ ୩ ଶହରୁ ୪ଶହ ଟଙ୍କାରେ ଏହି ଗୁଣ୍ଡ କୋଇଲା କିଣିଥାନ୍ତି। ଧାମରାରୁ ଜଳପଥରେ ବୋଟ ଯୋଗେ କୋଇଲା ରାଜନଗର ଅଞ୍ଚଳକୁ ଆସିଥାଏ। ରାଜନଗର ଅଞ୍ଚଳର ବ୍ରାହ୍ମଣୀ ଓ ବୈତରଣୀ ନଦୀ ପଠାରେ କୋଇଲା ଅନ୍‌ଲୋଡ କରାଯାଇଥାଏ। ନଦୀପଠାରୁ ରାତିରେ ଟ୍ରକରେ ବୋଝେଇ କରାଯାଇ ପାରାଦୀପ, ଚୌଦ୍ୱାର ଓ ଜଗତପୁର ଚାଲାଣ କରାଯାଇଥାଏ। ପୋଲିସ ସୂତ୍ରରୁ ମିଳିଥିବା ସୂଚନା ଅନୁସାରେ ଜବତ ୨ଟି ଟ୍ରକ ଖଣ୍ଟୁଣୀ ଅଞ୍ଚଳର। ସେହି ଅଞ୍ଚଳର ଜଣେ ଚୋରା କୋଇଲା ବେପାରୀ ଏହି କାରବାରରେ ସଂପୃକ୍ତ ଥିବା ଜଣାଯାଇଛି । ଏହି କୋଇଲାର ବଜାର ମୂଲ୍ୟ କୁଇଣ୍ଟାଲ ପ୍ରତି ୨ହଜାର ୫ଶହରୁ ଅଧିକ । ଏ ନେଇ ୨ଟି ଥାନାରେ ମାମଲା ରୁଜୁ ହୋଇଛି।

# ମନସା ଦେବୀ ପୀଠରେ ସର୍ବସିଦ୍ଧି ମହାଯଜ୍ଞ



ମା' ମନସାଦେବୀ।

**ମାର୍ଶାଘାଇ ୧୪।୪(ଡିଏନଏ)**

ମାର୍ଶାଘାଇ ବ୍ଲକର ପେଣ୍ଠ-ବାଲିକୁଦାସ୍ଥିତ ସ୍ୱାମୀ ଦେବୀଦୟାଲ ଯୋଗାଶ୍ରମରେ ୨୯ତମ ବାର୍ଷିକ ସର୍ବସିଦ୍ଧି ମହାଯଜ୍ଞ ବୁଧବାର ଠାରୁ ଆରମ୍ଭ ହୋଇଛି। ଯୋଗାଶ୍ରମର ଅଧିଷ୍ଠାତ୍ରୀ ଦେବୀ ମା'ମନସାଦେବୀଙ୍କ ଜନ୍ମତିଥି ଅବସରରେ ପ୍ରତିବର୍ଷ ପରି ଚଳିତବର୍ଷ ମଧ ଏହି ମହାଯଜ୍ଞ ହେଉଛି । ବୁଧବାର ସକାଳେ କଳସ ଶୋଭାଯାତ୍ରା କରାଯାଇଥିଲା । ଏହି ଅବସରରେ ଗୁରୁବାର ମା'ଙ୍କ ଷଷ୍ଠୀ ପୂଜା, ଶୁକ୍ରବାର ସପ୍ତମୀରେ ସୂର୍ଯ୍ୟପୂଜା, ଦ୍ୱାରପାଳ ପୂଜା ହୋଇ ଅଗ୍ନିସ୍ଥାପନ କରାଯାଇଥିଲା । ଶନିବାର ଅଷ୍ଟମୀ ପୂଜା, ଚଣ୍ଡୀପାଠ, ସହସ୍ରନାମ ପାଠ କରାଯାଇଥିବା ବେଳେ ରବିବାର ନବମୀପୂଜା, ଚଣ୍ଡୀ ପାଠ କରାଯାଇଥିଲା। ସୋମବାର ଦଶମୀ ପୂଜା ସହିତ ପୂର୍ଣ୍ଣାହୁତି କାର୍ଯ୍ୟକ୍ରମ ରହିଥିବା ଦେବୀଦୟାଲ ଆଶ୍ରମ ତରଫରୁ ରାଧାଗୋବିନ୍ଦ ବ୍ରହ୍ମଚାରୀ ମହାରାଜ ପ୍ରକାଶ କରିଛନ୍ତି । ୬ଦିନ ବ୍ୟାପୀ ଅନୁଷ୍ଠିତ ହେଉଥିବା ସର୍ବସିଦ୍ଧି ମହାଯଜ୍ଞ ଉପଲକ୍ଷେ ପ୍ରତିଦିନ ସନ୍ଧ୍ୟାରେ ସାଂସ୍କୃତିକ କାର୍ଯ୍ୟକ୍ରମ ହେଉଥିବା ବେଳେ ଶ୍ରଦ୍ଧାଳୁଙ୍କ ଭିଡ ଜମୁଛି। ।

# ଚଇତି ପର୍ବ ପାଇଁ ମା'ମାଟିଆ ମଙ୍ଗଳା ପୀଠ ଚଳଚଞ୍ଚଳ

**ଯରାଜନଗର ୧୪।୪(ଡିଏନଏ)**

ରାଜନଗର ବ୍ଲକର ବାରଗାଁ ସ୍ଥିତ ମା' ମାଟିଆ ମଙ୍ଗଳା ପୀଠ ଚଇତି ପର୍ବ ପାଇଁ ଚଳଚଞ୍ଚଳ ହୋଇ ଉଠିଛି। ପଣାସଂକ୍ରାନ୍ତି ଓ ଓଡିଆ ନବବର୍ଷରେ ମାଙ୍କୁ ଦର୍ଶନ କରି ବର୍ଷକ ଯାକର ଶୁଭ ମନାସିବା ପାଇଁ ରବିବାର ପ୍ରାୟ ୫୦ ହଜାରରୁ ଊର୍ଦ୍ଧ୍ୱ ଶ୍ରଦ୍ଧାଳୁଙ୍କ ସମାଗମ ହୋଇଥିଲା । ଭୋରରୁ ମା'ଙ୍କର ପ୍ରଭାତ ଅବକାଶ, ଷୋଡଶ ଉପଚାର ପୂଜା ପରେ ସର୍ବସାଧାରଣ ଦର୍ଶନ ପାଇଁ ପହୁଡ ଖୋଲିଥିଲା। ସନ୍ଧ୍ୟାରେ ସନ୍ଧ୍ୟା ଆଳତି,



ମା' ମାଟିଆ ମଙ୍ଗଳା।

### ୫୦ ହଜାର ଶ୍ରଦ୍ଧାଳୁଙ୍କ ସମାଗମ

ଧୂପ ସହିତ ମା'ଙ୍କ ପୂଜା କରାଯାଇଥିଲା।

ଏଠାରେ ବ୍ରାହ୍ମଣ ବଦଳରେ ରାଉଳ ସଂପ୍ରଦାୟ ମା'ଙ୍କ ପୂଜାର୍ଚ୍ଚନା କରିଥାନ୍ତି। ପୂର୍ଣ୍ଣିମା ଓ ସଂକ୍ରାନ୍ତିରେ ମା'ଙ୍କୁ ଆମିଷ ଭୋଗ ସମର୍ପଣ କରାଯାଏ। ମା'ଙ୍କ ବାର ମାସର ୧୩ ପର୍ବ ମଧ୍ୟରେ ବିଷୁବ ସଂକ୍ରାନ୍ତି ମୁଖ୍ୟପର୍ବ। ଏହି ପର୍ବ ୫ ଦିନ ଧରି ଚାଲିବ।

# ଚଉଁରାରେ ଠେକିବସା ଉତ୍ସବ ପାଳିତ



**ମାର୍ଶାଘାଇ ୧୪।୪(ଡିଏନଏ)**

ବିଷୁବ ସଂକ୍ରାନ୍ତି ଅବସରରେ ରବିବାର ମାର୍ଶାଘାଇ ବ୍ଲକର ବିଭିନ୍ନ ଗ୍ରାମରେ ପ୍ରତ୍ୟେକ ଗୃହ ଅଙ୍ଗନରେ ଥିବା ଚଉଁରାରେ ଠେକି ବସା ଉତ୍ସବ ପାଳିତ ହୋଇଯାଇଛି। ସକାଳୁ ମହିଳାମାନେ ଚଉରାକୁ ଧୋଇ ଗୋବରରେ ଲିପାପୋଛା କରି ଚିତା ପକାଇବା ସହିତ ଫୁଲରେ ସଜାଇଥିଲେ। ପୂଜକ ଦ୍ୱାରା ବୃନ୍ଦାବତୀକୁ ନୂଆ ବସ୍ତ୍ର ପିନ୍ଧାଇ ଗବ ଗଛର ଡାଳକୁ ଚଉରା ପାଖରେ ପୋତି କଦଳୀ ପାଟୁଆରେ ସିକା କରି ସେଥିରେ ମାଟିର କଳସ (ଠେକି)କୁ ବସାଇ ବାନ୍ଧିଥିଲେ। କଳସୀର ନିମ୍ନଭାଗରେ ଏକ ଛିଦ୍ର କରି ସେଥିରେ କୁଟାକୁ ଲଗାଇ ଚଉରା ଉପରେ ତାହାକୁ ଟଙ୍ଗାଇ ଥିଲେ। ଗ୍ରୀଷ୍ମ ତାପରୁ ତୁଳସୀ ଗଛକୁ ବଞ୍ଚାଇ ରଖିବାକୁ କଳସୀରେ ପାଣି ଦିଆଯାଇଥାଏ। କଳସୀର ପାଣି ଛିଦ୍ର ଦ୍ୱାରା ଧିରେ ଧିରେ ଗଛକୁ ପାଣି ଯୋଗାଇଥାଏ। ଏକ ମାସ ଧରି ଘରର ମହିଳାମାନେ ଚଉରାକୁ ପୂଜା କରି ଠେକିରେ ପାଣି ଦେଇଥାନ୍ତି। ପରବର୍ତ୍ତୀ ସଂକ୍ରାନ୍ତି ଦିନ ସେହି ଠେକିକୁ ଚଉଁରା ଉପରୁ ଉଠାଯାଇ ନଦୀର ଜଳରେ ବିସର୍ଜନ କରାଯିବାର ବିଧି ରହିଛି।

# ଶ୍ରୀରାମଚରିତ ମାନସ ନବାହ୍ନ ପାରାୟଣ ଜ୍ଞାନଯଜ୍ଞ

**ପଟ୍ଟାମୁଣ୍ଡାଇ, ୧୪।୪ (ସ୍ୱ.ପ୍ର)**

ଶ୍ରୀରାମ କଥାମୃତ ପ୍ରଚାରିଣୀ ସଭା ଓ ବଣିକ ସଂଘ ଆନୁକୂଲ୍ୟରେ ସ୍ଥାନୀୟ ଶ୍ରୀରାମ ମନ୍ଦିରଠାରେ ନବଦିନ ବ୍ୟାପି ଶ୍ରୀରାମଚରିତ ମାନସ ଓ ନବାହ୍ନ ପାରାୟଣ ପ୍ରବଚନ ଜ୍ଞାନଯଜ୍ଞ ଶନିବାର ଉଦ୍‌ଯାପିତ ହୋଇଯାଇଛି । ସ୍ଥାନୀୟ ରାଧାରମଣ ମଠ ମହନ୍ତ ମହାରାଜ ଅସୀମାନନ୍ଦ ଦାସ ନବାହ୍ନ ପାରାୟଣ ଉଦ୍‌ଘାଟନ କରିଥିଲେ । ବଡଶଙ୍ଖ ପୁରୀର ବିଷ୍ଣୁ ବନମାଳୀ ଦାସ ବ୍ୟାସ ଦାୟିତ୍ୱ ସମ୍ପନ୍ନ କରିଥିଲେ । ନୂଆଗାଁର ପଣ୍ଡିତ ରାଧାମୋହନ ତ୍ରିପାଠୀ ପୂଜାର୍ଚ୍ଚନା କରିଥିଲେ । ଶ୍ରୀରାମଚରିତ ମାନସ ପାରାୟଣ ପ୍ରବଚନ ଜ୍ଞାନଯଜ୍ଞରେ ଶ୍ରୀରାମଙ୍କ ଆଧାରିତ ସତସଙ୍ଗରେ ପ୍ରାଧ୍ୟାପକ ଗୁରୁପ୍ରସାଦ ମହାପାତ୍ର, ଇଂ ମୃତ୍ୟୁଞ୍ଜୟ ଚୌଧୁରୀ, ବାଙ୍କୀର ସୂର୍ଯ୍ୟକାନ୍ତ ରଥ ଓ ତ୍ରିଜିବ ଦାଶ ପ୍ରମୁଖ ପ୍ରବଚକ ଭାବେ ଯୋଗ ଦେଇ ସତସଙ୍ଗ ମହିମା, ଶିବ ବିବାହ, ଶ୍ରୀରାମ ଜନ୍ମ, ବାଲ୍ୟଲୀଳା, ସୀତା ବିବାହ, ପର୍ଶୁରାମ ଭେଟ, ଶ୍ରୀରାମଙ୍କ ବନଗମନ, ମହାରାଜ ଦଶରଥଙ୍କ ମହାପ୍ରୟାଣ, ଶ୍ରୀରାମ ଭରତ ମିଳନ, ସୀତା ହରଣ, ରାବଣ ବଧ ଆଦି ପ୍ରସଙ୍ଗକୁ ସୁନ୍ଦର ଭାବରେ ବାଖ୍ୟା କରିଥିଲେ । ପ୍ରତ୍ୟହ ସକାଳେ ଗୀତା ପାଠ କରାଯାଇଥିଲା ।



ପ୍ରବଚକ ସୂର୍ଯ୍ୟକାନ୍ତ ରଥ ଓ ତ୍ରିଜିବ ଦାଶ।

ପୂର୍ବ ତଟ ରେଳପଥ
ରେଲ୍‌ୱେ ରିକ୍ରୁଟମେଣ୍ଟ୍ ସେଲ୍
ଅଧକ୍ଷଙ୍କ କାର୍ଯ୍ୟାଳୟ, ଦ୍ୱିତୀୟ ମହଲା, ସାଉଥ୍ ବ୍ଲକ୍, ରେଳ ସଦନ, ଚନ୍ଦ୍ରଶେଖରପୁର, ଭୁବନେଶ୍ୱର, ଓଡ଼ିଶା-751017

ସାଙ୍କେତିକ ସୂଚନା

ଗୁଡ୍‌ସ ଗାର୍ଡ୍, କମର୍ସିଆଲ୍ କମ୍ ଟିକଟ କ୍ଲର୍କ, ଜୁନିଅର କ୍ଲର୍କ କମ୍ ଟାଇପିଷ୍ଟ, ଟେକ୍ନିସିଆନ୍-III, କନିଷ୍ଠ ଯନ୍ତ୍ରୀ/ଟ୍ରାକ୍ ମେସିନ୍, କନିଷ୍ଠ ଯନ୍ତ୍ରୀ (ସିଭିଲ୍ ଇଞ୍ଜିନିୟରିଂ, ମେକାନିକାଲ, ଇଲେକ୍ଟ୍ରିକାଲ୍, ସଙ୍କେତ ଓ ଦୂରସଞ୍ଚାର ନିମନ୍ତେ) ରେ 310 ସଂଖ୍ୟକ ପଦବୀ ପୂରଣ କରିବା ନିମନ୍ତେ ସାଧାରଣ ବିଭାଗୀୟ ପ୍ରତିଯୋଗିତାମୂଳକ ପରୀକ୍ଷା **(GDCE)** ବିଜ୍ଞପ୍ତି ତା **15.04.2019** ରିଖରେ ଜାରି କରାଯାଇଛି । ଏହି ବିଜ୍ଞପ୍ତି ରେଲ୍‌ୱେ ରିକ୍ରୁଟମେଣ୍ଟ ସେଲ୍ (RRC) ୱେବ୍‌ସାଇଟ : **rrcbbs.org.in** ରେ ପ୍ରସାର ଏବଂ ଅପଲୋଡ କରିଦିଆଯାଇଛି। ପୂର୍ବ ତଟ ରେଳପଥ ପ୍ରଶାସନ ଅଧିନରେ ନିୟମିତ ଭିତ୍ତିରେ ସେବାରତ ରେଳ କର୍ମଚାରୀମାନଙ୍କୁ ପରାମର୍ଶ ଦିଆଯାଉଅଛି କି ସେମାନେ ବିସ୍ତୃତ ବିବରଣୀ ତଥା ଅନ୍‌ଲାଇନ ମାଧ୍ୟମରେ ସେମାନଙ୍କର ଆବେଦନ ପତ୍ର ଦାଖଲ କରିବା ନିମନ୍ତେ ରେଲ୍‌ୱେ ରିକ୍ରୁଟମେଣ୍ଟ ସେଲ୍ (RRC) ୱେବ୍‌ସାଇଟ : **rrcbbs.org.in** କୁ ଅବଲୋକନ କରନ୍ତୁ।

ଆବେଦନର ଅନ୍‌ଲାଇନ୍ ପଞ୍ଜିକରଣ ତା **15.04.2019**ରିଖ ଠାରୁ ଆରମ୍ଭ ହେବ
ଅନ୍‌ଲାଇନ୍ ଆବେଦନ ଦାଖଲ କରିବାର ଅନ୍ତିମ ତାରିଖ : ତା **14.05.2019** ରିଖ

PR-27/K/19-20 ଅଧକ୍ଷ, ରେଲ୍‌ୱେ ରିକ୍ରୁଟ୍‌ମେଣ୍ଟ୍ ସେଲ୍, ଭୁବନେଶ୍ୱର

# ବଂଶୀଧର ମେମୋରିଆଲ ଟ୍ରଷ୍ଟ ପକ୍ଷରୁ ବିଷୁବମିଳନ

**ଆଳି, ୧୪।୪ (ଡି.ଏନ୍.ଏ.)**

ଆଳି ଶାସନସ୍ଥିତ ବଂଶୀଧର ମେମୋରିଆଲ ଟ୍ରଷ୍ଟ ପକ୍ଷରୁ ମହାବିଷୁବ ସଂକ୍ରାନ୍ତି ଅବସରରେ ରବିବାର ପୂର୍ବାହ୍ନରେ ବିଷୁବ ମିଳନ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ରାମେଶ୍ୱର ନିଆଳ ପଞ୍ଚାୟତ ଉଚ୍ଚ ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ଏହି ଉତ୍ସବରେ ଟ୍ରଷ୍ଟର ସଭାପତି ବାବାଜୀ ଚରଣ ସ୍ୱାଇଁ ଅଧ୍ୟକ୍ଷତା କରିଥିଲେ। ଏଥିରେ ଡେରାବିଶ ବ୍ଲକ ଏବିଇଓ ନରହରି ସୂତାର ମୁଖ୍ୟଅତିଥି ଓ ସ୍କୁଲର ପ୍ରଧାନ ଶିକ୍ଷକ ଅରୁଣ କୁମାର ଦାସ ମୁଖ୍ୟବକ୍ତା ଭାବେ ଯୋଗଦେଇଥିଲେ। ଏହି ଅବସରରେ ଟ୍ରଷ୍ଟପକ୍ଷରୁ ଛାତ୍ରୀଛାତ୍ରମାନଙ୍କ ମଧ୍ୟରେ ପ୍ରତିଭା ଅନ୍ୱେଷଣ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ଏଥିରେ ୨୦ ବିଦ୍ୟାଳୟର ୮୦ ଜଣ ଛାତ୍ରୀଛାତ୍ର ଭାଗନେଇଥିଲେ। ଛାତ୍ରୀଛାତ୍ର ମାନଙ୍କୁ ବରିଷ୍ଠ ଓ କନିଷ୍ଠ ବିଭାଗରେ ବିଭକ୍ତ କରାଯାଇ ସେମାନଙ୍କ ମଧ୍ୟରେ ବକ୍ତୃତା, ସଂଗୀତ, ଚିତ୍ରାଙ୍କନ, ଯୋଗାସନ, କବିତା ଆବୃତ୍ତି ଆଦି ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। କୃତୀ ଛାତ୍ରୀ ଅଙ୍କିତା ସାହୁ, ସିଦ୍ଧିପ୍ରଦା ଷଡଙ୍ଗୀ, ଦେବଲକ୍ଷ୍ମୀ ବେହେରା, ଆରାଧନା ମହାପାତ୍ର, କମଳା ଖିଲାର, ପ୍ରଜ୍ଞା ପରମିତା ପଣ୍ଡା, ସ୍ମିତିପ୍ରଜ୍ଞା ଦାଶ, ଲକ୍ଷ୍ମୀପ୍ରିୟା ପୁହାଣ, ଇଷା ଷଡ଼ଙ୍ଗୀ, ବିନାୟକ ମହାପାତ୍ର ପ୍ରମୁଖଙ୍କୁ ଅତିଥିମାନେ ପୁରସ୍କୃତ କରିଥିଲେ। ଏହି ଉତ୍ସବରେ ଗୟାଧର ରଥ ଅତିଥି ପରିଚୟ ପ୍ରଦାନ କରିଥିବା ବେଳେ ଟ୍ରଷ୍ଟର ସମ୍ପାଦକ ହିମାଂଶୁ ମିଶ୍ର ଉତ୍ସବର ଉଦ୍ଦେଶ୍ୟ ଜ୍ଞାପନ କରିଥିଲେ। ଟ୍ରଷ୍ଟର ଉପସଭାପତି ଚିତ୍ତରଞ୍ଜନ ମହାପାତ୍ର, ଅଶୋକ ବିଶ୍ୱାଳ, ମିତ୍ରଭାନୁ ଧଳ, ଶିବରାମ ପାଣି, ଦୈତାରି ମିଶ୍ର, ଦୟାନିଧି ସ୍ୱାଇଁ, ମହାଦେବ ପଣ୍ଡା, ଭୋଳାନାଥ ନାୟକ, ଛତ୍ରଧାରୀ ନାୟକ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଟ୍ରଷ୍ଟର ସଦସ୍ୟ ବିରଞ୍ଚି ନାରାୟଣ ହାପାତ୍ର କାର୍ଯ୍ୟକ୍ରମ ଶେଷରେ ଧନ୍ୟବାଦ ଅର୍ପଣ କରିଥିଲେ। ଏହି କାର୍ଯ୍ୟକ୍ରମକୁ ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘ ସଦସ୍ୟମାନେ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ଅଗ୍ନିକାଣ୍ଡରେ ଟେଷ୍ଟ ହାଉସ୍ ପୋଡ଼ିଗଲା

**ଡେରାବିଶ, ୧୪।୪ (ସ୍ୱ.ପ୍ର.)**

ଡେରାବିଶ ବ୍ଲକ ଦାନପୁର ପଞ୍ଚାୟତ ଅଧୀନ କେଶରପୁରସ୍ଥିତ ମହାବୀର କଲୋନୀସ୍ଥିତ କେଶରପୁର ଗ୍ରାମର ଅଜୟ କୁମାର ମହାନ୍ତିଙ୍କ ଟେଷ୍ଟ ହାଉସ୍‌ରେ ରବିବାର ସକାଳୁ ନିଆଁ ଲାଗି ଯାଇଥିଲା। ଏହା ଫଳରେ ଟେଷ୍ଟ ହାଉସର ସମସ୍ତ ସାମଗ୍ରୀ (ମାଇକ୍, ଲାଇଟ୍, ଚେୟାର ଓ ଡାଇନିଂ ଟେବୁଲ୍) ପୋଡ଼ି ପାଉଁଶ ହୋଇଯାଆନ୍ତି। ନିଶ୍ଚିନ୍ତକୋଇଲିର ୨ ଅଗ୍ନିଶମ ସେବା ସଂସ୍ଥା କର୍ମଚାରୀ ଘଟଣା ସ୍ଥଳରେ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲେ ହେଁ ପ୍ରାୟ ୨ଲକ୍ଷ ଟଙ୍କାର ସାମଗ୍ରୀ ପୋଡି ପାଉଁଶ ହୋଇଯାଇଥିବା ଟେଷ୍ଟ ହାଉସ୍ ମାଲିକ ଅଜୟ କହିଛନ୍ତି।






GOVT. OF INDIA
MINISTRY OF FINANCE
DEPARTMENT OF FINANCIAL SERVICES
DEBTS RECOVERY TRIBUNAL
COURT OF THE RECOVERY OFFICER
Plot No. C/71, Sector-7, CDA, Cuttack-753014
FORM NO.ITCP- 1
**NOTICE OF DEMAND TO THE CERTIFICATE DEBTORS**
(See Rule 2 of the Second Schedule as referred to in section 29 of the Recovery of Debts due to Banks & Financial Institutions Act,1993 )
**R. P. No.066/2018/CTC**
(Arising out of OA No. 236 of 2015) **Next Date: 02.05.2019**

**Bank of India, Jeypore Branch,** Main Road, At/PO: Jeypore, Dist- Koraput, PIN- 764001 . **Certificate Holder Bank**
Vs.
**M/s Sai Prasad Enterprises & another** **Certificate Debtors**
To
1. **M/s Sai Prasad Enterprises,** Main Road, At/PO: Jeypore, Dist- Koraput, PIN- 764001 . **(Represented through its proprietor, Shri Pradeep Kumar Biswal)**
2. **Sri Pradeep Kumar Biswal,** S/o-Sri Parshuram Biswal, Prasad Rao Peta, Jeypore, Dist- Koraput, PIN- 764001 .

Take notice that Certificate arising out of **OA No.236 of 2015** issued by the Hon'ble Presiding Officer, Debts Recovery Tribunal, Cuttack under Section 19(22) of the Recovery of Debts due to Banks and Financial Institutions Act, 1993 and forwarded to the undersigned for recovery of **Rs.15,32,213.00 (Rupees Fifteen Lac Thirty Two Thousand Two Hundred Thirteen Only)** together with interest till realisation of the dues, cost, charges as per the certificate, the details of which are given below:

| | | | |
|---|---|---|---|
| 1. | Decretal Dues | : | Rs.15,32,213.00 |
| 2. | Cost allowed | (+) : | Rs. 18,000.00 |
| 3. | Interest @ 12.95% p.a with quarterly rests from 05.05.2015 to 31.08.2018 | : | Rs. 6,44,870.00 |
| | Total | : | **Rs.21,95,083.00** |

**(Rupees Twenty One Lac Ninety Five Thousand Eighty Three only )** with of interest @ 12.95% p.a with quarterly rests on the amount due from 01.09.2018 till realization of the entire Dues.

2. You are hereby directed to pay the above stated sum within 15 (Fifteen) days of the publication of this notice, failing which the recovery shall be made in accordance with the provisions contained in Chapter V of the Recovery of Debts due to Banks & Financial Institutions Act, 1993.

3. In addition to the aforesaid amount you will also be liable for all future interest, costs, charges and expenses incurred in respect of the service of this notice and of warrants and other processes etc. and of all the other proceedings taken for realising of arrears.

4. You are hereby directed to appear in person or through legal representative before the undersigned on **02.05.2019** and report the details of payment made by you.

Given under my hand & seal at Cuttack on this 4th day of April,2019 .

**Sd/-**
**(R P Patnaik)**
**Recovery Officer**

## ସଂକ୍ଷେପରେ

### ଶାରଦା ହେଲେ ବିଜେଡି ସାଧାରଣ ସମ୍ପାଦକ

ଏରସମା,୧୪।୪(ସ୍ୱ.ପ୍ର.): ଏରସମାର ଶାରଦା ପ୍ରସନ୍ନ ଜେନା ଶୁକ୍ରବାର କଂଗ୍ରେସ ଛାଡି ବିଜେଡିରେ ମିଶିଥିଲେ। ତାଙ୍କୁ ବିଜେଡିର ରାଜ୍ୟ ସାଧାରଣ ସମ୍ପାଦକ ଭାବେ ଦାୟିତ୍ୱ ପ୍ରଦାନ କରାଯାଇଥିବା ଏକ ପ୍ରେସ ବିଜ୍ଞପ୍ତିରେ ଘୋଷଣା କରାଯାଇଛି। ଏହି ପରିପ୍ରେକ୍ଷୀରେ ଜେନା ଦଳର ସଭାପତି ତଥା ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ନିକଟରେ କୃତଜ୍ଞତା ପ୍ରକାଶ କରିଛନ୍ତି।

### ଦୁର୍ଘଟଣାରେ ବାଇକ୍ ଚାଳକ ଗୁରୁତର

ବାଲିକୁଦା,୧୪।୪(ସ୍ୱ.ପ୍ର.): ବାଲିକୁଦା-ବୋରିକିନା ରାସ୍ତାର ବାରିଲୋଠାରେ ଶନିବାର ରାତିରେ ଏକ ଅଜଣା ଗାଡି ଧକ୍କାରେ ଜଣେ ବାଇକ୍ ଆରୋହୀ ଗୁରୁତର ହୋଇଛନ୍ତି। ସେ ହେଲେ ଏରସମା ଥାନା ଅନ୍ତର୍ଗତ ସୋମପୁର ଗାଁର ଅଗସ୍ତି ପରିଡା। ବାଲିକୁଦାରୁ ବାଇକ ଯୋଗେ ସେ ଘରକୁ ଫେରୁଥିଲେ। ଏହି ସମୟରେ ଏକ ଅଜଣା ଗାଡ଼ି ତାଙ୍କୁ ଧକ୍କା ଦେବାରୁ ସେ ରାସ୍ତାରୁ ପ୍ରାୟ ୧୫ ଫୁଟ ତଳକୁ ଖସିପଡିଥିଲେ। ସ୍ଥାନୀୟ ଲୋକଙ୍କ ସହାୟତାରେ ତାଙ୍କୁ ପ୍ରଥମେ ଜଗତ୍‌ସିଂହପୁର ମୁଖ୍ୟ ଚିକିତ୍ସାଳୟକୁ ନିଆଯାଇଥିଲା। ପରେ ତାଙ୍କୁ କଟକ ବଡ଼ ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଛି।

### ନିଗମାନନ୍ଦ ମନ୍ଦିରର ବାର୍ଷିକ ଉତ୍ସବ

ବାଲିକୁଦା,୧୪।୪(ସ୍ୱ.ପ୍ର.): ବାଲିକୁଦା ସ୍ଥିତ ନିଗମାନନ୍ଦ ସ୍ମୃତି ଆସନ ମନ୍ଦିରର ୪୮ ତମ ବାର୍ଷିକୋତ୍ସବ ଅନୁଷ୍ଠିତ ହୋଇଛି। ଏଥିରେ ପୁରୀ ଜିଲା ବୀରତୁଙ୍ଗସ୍ଥିତ ନୀଳାଚଳ ସାରସ୍ୱତ ସଂଘ କେନ୍ଦ୍ର ସଭାପତି ଗଗନେନ୍ଦ୍ର ନାଥ ମହାନ୍ତି ଯୋଗଦେଇ ଆଦର୍ଶ ଗୃହସ୍ଥ ଜୀବନ ଯାପନ, ସଂଘ ଶକ୍ତିର ପ୍ରତିଷ୍ଠା, ନାରାୟଣ ଜ୍ଞାନରେ ଜୀବନସେବାର ମହତ୍ତ୍ୱ ସମ୍ପର୍କରେ କହିଥିଲେ। କାକଟପୁର ସଂଘ ସଭାପତି ଦୁର୍ଯ୍ୟୋଧନ ଖୁଣ୍ଟିଆ, ସମ୍ମିଳନୀ ଅଭ୍ୟର୍ଥନା କମିଟିର ସଭାପତି କଳ୍ପତରୁ ସେନାପତି, କେନ୍ଦ୍ର ସେବକ ସଂଘ ସଭାପତି ସୁଧିର ଲେଙ୍କା, ପୂର୍ବତନ ଗଭର୍ଣ୍ଣିଂ ବଡିର ସଦସ୍ୟ ବୀରବର ବାରିକ, ପୂଜକ ସାରଦା ପ୍ରସନ୍ନ ଦାଶ, ସମ୍ପାଦକ କାହ୍ନୁଚରଣ ସାହୁଙ୍କ ସମେତ ଶତାଧିକ ଶ୍ରଦ୍ଧାଳୁ ଯୋଗ ଦେଇଥିଲେ।

### ଭକ୍ତ ବନ୍ଧୁ ମହାନ୍ତି ସ୍ମୃତି ପରିଷଦର ଜଳଛତ୍ର



ନାଉଗାଁ,୧୪।୪(ସ୍ୱ.ପ୍ର.): ନାଉଗାଁ ବ୍ଲକ ଅଲଣାହାଟରେ ଭକ୍ତ ବନ୍ଧୁ ମହାନ୍ତି ସ୍ମୃତି ପରିଷଦ ପକ୍ଷରୁ ପବିତ୍ର ପଣା ସଂକ୍ରାନ୍ତିରେ ରବିବାର ଜଳଛତ୍ର ଖୋଲାଯାଇଛି। ଗ୍ରୀଷ୍ମ ପ୍ରବାହ ବୃଦ୍ଧି ପାଉଥିବାରୁ ପଥଚାରୀଙ୍କୁ ପାନୀୟଜଳ ଯୋଗାଇବା ପାଇଁ ଏହି ଜଳଛତ୍ର ଖୋଲାଯାଇଛି। ୧୭ ବର୍ଷ ହେବ ପରିଷଦ ପକ୍ଷରୁ ଜଳଛତ୍ର ଖୋଲାଯାଉଛି। ପରିଷଦ ପକ୍ଷରୁ ସୁବାସ ମହାନ୍ତି, ଶ୍ରୀୟା ମାଧବ ଦାସ, ଉମେଶ କୁମାର ମହାନ୍ତି, ସୁଶାନ୍ତ ସାହୁ, ତାପସ ସାହୁ, ଉମର ସାହୁ, ବୁଦ୍ଧଦେବ ଦାସ ପ୍ରମୁଖ ଜଳଛତ୍ର ପରିଚାଳନା କରୁଛନ୍ତି।

# ନୂଆମୁହଁ ଦେଖି ଭୋଟର ଆଶ୍ୱସ୍ତ

କୁଜଙ୍ଗ,୧୪।୪(ସ୍ୱ.ପ୍ର.)

- ସ୍ଥାନୀୟ ସମସ୍ୟା ପ୍ରତି ଆଖି ବୁଜିଦେଇଥିଲେ ପୁରୁଣା ନେତୃତ୍ୱ
- ଆସ୍ଥାଭାଜନ ହେଉଛନ୍ତି ନୂଆମୁହଁ
- ଯିଏ ଜିତିବ ଅଳ୍ପ ବ୍ୟବଧାନରେ

ପାରାଦୀପ ବିଧାନସଭା ନିର୍ବାଚନମଣ୍ଡଳୀ ଉପରେ ଏବେ ସମସ୍ତଙ୍କ ନଜର। ବିଜେଡିରୁ ବରିଷ୍ଠ ନେତା ଦାମୋଦର ରାଉତ ବହିଷ୍କାର ହେବା ଓ ତାଙ୍କ ପୁଅ ସମ୍ବିତ ରାଉତରାୟଙ୍କୁ ଦଳ ଟିକେଟ ଦେବା ରୋଚକ ପରିସ୍ଥିତି ସୃଷ୍ଟି କରିଛି। ଦୀର୍ଘ ୪ ଦଶନ୍ଧି ଧରି ପାରାଦୀପ ଓ କୁଜଙ୍ଗ ଅଞ୍ଚଳକୁ କର୍ମଭୂମି କରିଥିବା ଦାମଙ୍କ ଉପରେ ବହୁ ଦଳୀୟ କର୍ମୀ ଓ ଭୋଟର କ୍ଷୁବ୍ଧ ହୋଇପଡିଥିଲେ। ଏବେ ତାଙ୍କ ପୁତ୍ର ସମ୍ବିତ ଦଳର ମଙ୍ଗ ଧରି ଭୋଟ୍ ଭିକ୍ଷା କରୁଛନ୍ତି। ପାରାଦୀପ ନିର୍ବାଚନମଣ୍ଡଳୀ ପାଇଁ ସେ ନୂଆମୁହଁ ହୋଇଥିବାରୁ ଭୋଟର ଆଶ୍ୱସ୍ତ ହେଉଛନ୍ତି। ସେହିପରି ବିରୋଧୀ କଂଗ୍ରେସ ପ୍ରାର୍ଥୀ ଅରିନ୍ଦମ ସର୍ଖେଲ କେବେ କ୍ଷମତାକୁ ଆସି ନ ଥିବା ଓ ରାଜନୀତିରେ ଜନସାଧାରଣଙ୍କ ଆସ୍ଥା ହରାଇ ନ ଥିବାରୁ ସେ ମଧ୍ୟ ଭୋଟରଙ୍କୁ ଭେଟିବା ସହଜ ହେଉଛି। ଭାଜପା ପ୍ରାର୍ଥୀ ସମ୍ପଦ ସ୍ୱାଇଁ ମଧ୍ୟ ଭୋଟରଙ୍କ ପାଇଁ ସମ୍ପୂର୍ଣ୍ଣ ନୂଆ ମୁହଁ। ସେ ପୂର୍ବରୁ ରାଜନୀତିରେ କୌଣସି ଧାର ଧରିନାହାନ୍ତି। ଗତ ପଞ୍ଚାୟତ ନିର୍ବାଚନରେ ସମ୍ପଦଙ୍କ ନେତୃତ୍ୱରେ ଦଳ ନିର୍ବାଚନ ଭାର ଛାଡ଼ିଥିବାବେଳେ ସେ ନିଜର ପାରିବା ପଣିଆ ପ୍ରମାଣିତ କରିଥିଲେ। ସେତେବେଳେ ଦାମଙ୍କ ନେତୃତ୍ୱକୁ ଚ୍ୟାଲେଞ୍ଜ ଦେଇ ଭାଜପା ୨ଟି ଜିଲା ପରିଷଦ ଜୋନରେ ବିଜୟୀ ହୋଇଥିଲା। ତେଣୁ ପଞ୍ଚାୟତ ନିର୍ବାଚନ ପରେ ବିଜେଡି ଓ କଂଗ୍ରେସ ଭଳି ଭାଜପା ମଧ୍ୟ ପ୍ରତିଦ୍ୱନ୍ଦ୍ୱୀ ବୋଲି ପ୍ରମାଣିତ ହୋଇଥିଲା। ତେଣୁ ସମ୍ପଦ ଗାଁ ଗାଁ ବୁଲି ଭୋଟରଙ୍କୁ ଭେଟିବା ବେଳେ ଲୋକେ ତାଙ୍କୁ ମଧ୍ୟ ବିଶ୍ୱାସକୁ ନେଉଛନ୍ତି। ସ୍ୱାଧୀନ ପ୍ରାର୍ଥୀ ଶ୍ରୀବଲ୍ଲଭ କର ଅଞ୍ଚଳରେ ବେଶ୍ ଜଣାଶୁଣା ଓ ବହୁ ଜନ ସମାଜ ପାର୍ଟିର ଅଞ୍ଜନ ମଲ୍ଲିକ ମଧ୍ୟ ଲୋକଙ୍କ ପାଇଁ ନୂଆ ମୁହଁ। ପାରାଦୀପ ନିର୍ବାଚନମଣ୍ଡଳୀରେ ୨ ଲକ୍ଷ ହଜାର କୋଟି ଟଙ୍କା ଶିଳ୍ପ ପାଇଁ ବିନିଯୋଗ ହୋଇଛି। ଏହା ରାଜ୍ୟ ପାଇଁ ବିକାଶର ଦ୍ୱାର ପାଲଟିଛି। ହେଲେ ଅଞ୍ଚଳବାସୀଙ୍କ ଦୁଃଖ କହିଲେ ନ ସରେ। ନିଯୁକ୍ତି, ଶିକ୍ଷା, ସ୍ୱାସ୍ଥ୍ୟସେବା, ପରିମଳ ଓ ପାନୀୟଜଳ ଆଦି ଯେଉଁ ଗୁରୁତର ସମସ୍ୟା ରହିଛି ତାହାର ସମାଧାନ କରିବାରେ ପୂର୍ବରୁ ନିର୍ବାଚିତ ଜନପ୍ରତିନିଧିମାନେ ଅସମର୍ଥ ହୋଇଛନ୍ତି। ତେଣୁ ଚଳିତଥର ଯଦି ସେହି ପୁରୁଣା ମୁହଁ ମଇଦାନକୁ ଆସିଥାନ୍ତେ, ତେବେ ଲୋକେ ସେମାନଙ୍କୁ ପ୍ରଶ୍ନବାଣରେ ଜର୍ଜରିତ କରିଥାନ୍ତେ। କିନ୍ତୁ ନୂଆ ମୁହଁ ଯୋଗୁ କିଛି କହିପାରୁନାହାନ୍ତି। କେବଳ ସେମାନଙ୍କୁ ଭରସା କରିବା ହିଁ ଏକମାତ୍ର ରାସ୍ତା। ତେବେ କିଏ କିପରି ପ୍ରତିଶ୍ରୁତି ଦେଇ ନିର୍ବାଚନ ବୈତରଣୀ ପାର ହେଉଛନ୍ତି, ତାହା ଦେଖିବାର ଅଛି।

ପ୍ରକାଶ ଯେ, ବରିଷ୍ଠ ନେତା ଦାମୋଦର ରାଉତ ବିଜେଡିରୁ ବହିଷ୍କୃତ ହେବା ପରେ ଅଞ୍ଚଳର ସମସ୍ତ ଛାମୁଆ ବିଜେଡି କର୍ମୀ ଓ ନେତୃତ୍ୱ ତାଙ୍କ ହାତ ଛାଡ଼ି ପାନେ ଦେବାକୁ ପ୍ରସ୍ତୁତ ଥିଲେ। ଏହି ସୁଯୋଗରେ କଟକ ବାରବାଟୀ ବିଧାୟକ ଦେବାଶିଷ ସାମନ୍ତରାୟ ଓ ଦଳର ପ୍ରଭାବଶାଳୀ ନେତାମାନେ ଦାମଙ୍କ ବିକଳ୍ପ ହେବାକୁ ଅଣ୍ଟା ଭିଡ଼ିଥିଲେ। ହେଲେ ଦାମଙ୍କ ସ୍ତ୍ରୀ ବିୟୋଗ ପରେ କଥା ବଦଳିଥିଲା ଓ ତାଙ୍କ ପୁତ୍ର ସମ୍ବିତଙ୍କୁ ଦଳ ବିଶ୍ୱାସକୁ ନେଇଥିଲା। ଏବେ ସମସ୍ତ ଦାମ ବିରୋଧୀଙ୍କୁ ସମ୍ବିତ ନିଜର ଚତୁର ପଣିଆ ଓ ସରଳ ବ୍ୟବହାର ପାଇଁ ଏକାଠି କରିପାରିଛନ୍ତି। ସମ୍ବିତଙ୍କ ସହ ହାତ ମିଳାଇଛନ୍ତି ନିକଟରେ କଂଗ୍ରେସ ଛାଡି ବିଜେଡିରେ ସାମିଲ ହୋଇଥିବା ପ୍ରମୋଦ ଜେନା। ପ୍ରମୋଦ ଓ ତାଙ୍କ ସମର୍ଥକମାନେ ବିଜେଡିରେ ମିଶିବା ସମ୍ବିତଙ୍କ ପାଇଁ ଲାଭଦାୟକ ହୋଇଛି। କେବଳ ପଛରୁ ଛୁରାଘାତ ନ ହେଲେ ସେ ଚଳିତ ନିର୍ବାଚନରେ ଆଗକୁ ବଢିପାରିବେ ବୋଲି ଚର୍ଚ୍ଚା ହେଉଛି। ସେହିପରି କଂଗ୍ରେସ ପ୍ରାର୍ଥୀ ସର୍ଖେଲଙ୍କ ବାଟରୁ ପ୍ରମୋଦ ହଟିବା ପରେ ସେ ଦଳକୁ ସଙ୍ଗଠିତ କରୁଛନ୍ତି। ତାଙ୍କର ପ୍ରଭାବଶାଳୀ ଶୋଭାଯାତ୍ରା ଭୋଟରଙ୍କୁ ଆକୃଷ୍ଟ କରୁଛି। ସେପଟେ ସମ୍ପଦ ନିଷ୍କଳଙ୍କ ପ୍ରାର୍ଥୀ ହୋଇଥିବାରୁ ଲୋକଙ୍କ ଖୁବ୍ ନିକଟତର ହୋଇପାରିଛନ୍ତି। ତିନି ପ୍ରମୁଖ ପ୍ରାର୍ଥୀ ଭୋଟରଙ୍କ ଆସ୍ଥା ଭାଜନ ହେବାକୁ ସମସ୍ତ ଉଦ୍ୟମ ଚଳାଇଛନ୍ତି। ତେଣୁ ନିର୍ବାଚନ ଯେତିକି ପାଖେଇ ଆସୁଛି, ରାଜନୈତିକ ଉଷ୍ମତା ସେତେ ବଢୁଛି। ମୋଟାମୋଟି କହିବାକୁ ଗଲେ ଚଳିତଥର ହାରଜିତ ପ୍ରାର୍ଥୀଙ୍କ ମଧ୍ୟରେ ବ୍ୟବଧାନ ଖୁବ୍ କମ୍ ରହିବ ବୋଲି ଚର୍ଚ୍ଚା ହେଉଛି।




କୁଜଙ୍ଗରେ ଅନୁଷ୍ଠିତ କର୍ମୀ ସମ୍ମିଳନୀରେ ସମ୍ବିତ ଓ ବିଜେଡି କର୍ମୀମାନେ।

## ବିଜେଡିର କର୍ମୀ ସମ୍ମିଳନୀ

କୁଜଙ୍ଗ,୧୪।୪(ସ୍ୱ.ପ୍ର.)

କୁଜଙ୍ଗ ବ୍ଲକ ପାଟପୁରରେ ଶନିବାର ବିଜେଡିର କର୍ମୀ ସମ୍ମିଳନୀ ଅନୁଷ୍ଠିତ ହୋଇଛି। ବିଶ୍ୱନାଥ ସାହାଣୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ବିଧାୟକ ପ୍ରାର୍ଥୀ ସମ୍ବିତ କୁମାର ରାଉତରାୟ ଯୋଗଦେଇ ବିଜେଡି ସଭାପତି ତଥା ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ସୁଶାସନକୁ ଆହୁରି ଆଗକୁ ନେବାକୁ ହେଲେ ଦଳୀୟ ପ୍ରାର୍ଥୀଙ୍କୁ ବିଜୟୀ କରିବା ପାଇଁ ସମସ୍ତେ ଏକତ୍ରିତ ହୋଇ କାର୍ଯ୍ୟ କରିବାକୁ ଆହ୍ୱାନ ଦେଇଥିଲେ। କୁଜଙ୍ଗ ପଞ୍ଚାୟତ ସମିତି ଅଧ୍ୟକ୍ଷ ସ୍ମୃତିରଞ୍ଜନ ବେହେରା, ବିଜୟ କୁମାର ଖଟେଇ, ଶୁଭ୍ରକାନ୍ତ ସାମନ୍ତରାୟ ପ୍ରମୁଖ ଯୋଗଦେଇ ଏହି ପଞ୍ଚାୟତରେ ଦଳକୁ ଅଧିକରୁ ଅଧିକ ଭୋଟ୍ ଦେବାକୁ ଉଦ୍ୟମ କରିବା ପାଇଁ କହିଥିଲେ। ସରୋଜ ପ୍ରଧାନ, କିଶୋର ବେଉରା, ସୂର୍ଯ୍ୟମଣୀ ସେଠୀ, ଅରକ୍ଷିତ ପରିଡା, ସଚ୍ଚିକାନ୍ତ ଡାଲୁଆ, ଦିଲୀପ ବସ୍ତିଆ, ରଞ୍ଜନ ସାହୁ, ନିର୍ମଳ ନାୟକ, ସତ୍ୟବ୍ରତ ଲେଙ୍କା, ଦୟାନିଧି ମହାନ୍ତି, ଦେବାଶିଷ ପରିଡା, ସରୋଜ ନାୟକ, ପ୍ରଫୁଲ୍ଲ ମହାନ୍ତି, ବଂଶୀଧର ପାଣି, ପ୍ରହ୍ଲାଦ ସ୍ୱାଇଁ, ପ୍ରଶାନ୍ତ ଜେନା, କଳ୍ପତରୁ ସ୍ୱାଇଁ, ନୃସିଂହ ସ୍ୱାଇଁ, ସୁବାସ ନାୟକ, ଉମାକାନ୍ତ ନାୟକ, ପ୍ରତ୍ୟୁଷ ମହାପାତ୍ର, ଅନିଲ ସାମନ୍ତରାୟ ପ୍ରମୁଖ ଶତାଧିକ କର୍ମୀ ଉପସ୍ଥିତ ଥିଲେ।

## ଭାଜପାରେ ସାମିଲ ହେଲେ ବ୍ଲକ କଂଗ୍ରେସ ସଭାପତି



ଭାଜପାରେ ଯୋଗଦେଇଥିବା କଂଗ୍ରେସ ନେତା ଓ କର୍ମୀମାନଙ୍କୁ ସ୍ୱାଗତ କରାଯାଉଛି।

ରଘୁନାଥପୁର,୧୪।୪(ଡି.ଏନ୍.ଏ.)

**ରଘୁନାଥପୁରରେ ମିଶ୍ରଣ ପର୍ବ**

ଯୁବ ସଙ୍ଗଠକ ତଥା ଭାଜପା କର୍ମକର୍ତ୍ତା ମାନସ କୁମାର ମହାପାତ୍ରଙ୍କ ଉଦ୍ୟମକ୍ରମେ ରଘୁନାଥପୁର ବ୍ଲକ କଂଗ୍ରେସ ଜୋନ୍-୧ ସଭାପତି ଆଇନଜୀବୀ ଗଗନ ଦାଶଙ୍କ ସହ ଶତାଧିକ ବ୍ୟକ୍ତି ଭାଜପାରେ ଯୋଗଦାନ କରିଛନ୍ତି। ଏମ୍‌ପି ପ୍ରାର୍ଥୀ ବିଭୁ ପ୍ରସାଦ ତରାଇଙ୍କ ନେତୃତ୍ୱରେ ସମସ୍ତ ବ୍ୟକ୍ତି ଭୁବନେଶ୍ୱରସ୍ଥିତ ଷ୍ଟେଟ୍ କାର୍ଯ୍ୟାଳୟରେ ପହଞ୍ଚିଥିଲେ। ସେଠାରେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଦଳୀୟ ଚିହ୍ନଥିବା ଉତ୍ତରୀୟ ଓ କ୍ୟାପ୍ ପିନ୍ଧାଇ ଦଳ ପକ୍ଷରୁ ଶୁଭେଚ୍ଛା ଜଣାଇଥିଲେ। ଏଥିପାଇଁ ଆଇନଜୀବୀ ଦାଶ ସମସ୍ତ ଶ୍ରେୟ ଯୁବ ସଙ୍ଗଠକ ମହାପାତ୍ର ଓ ଘନିଷ୍ଠ ବନ୍ଧୁ ପ୍ରାର୍ଥୀ ତରାଇଙ୍କୁ ହିଁ ଦେଇଥିଲେ। ଦୀର୍ଘ ୨୦ ବର୍ଷ ବ୍ଲକ ଅଞ୍ଚଳର ଜନସାଧାରଣଙ୍କୁ ବିଭିନ୍ନ କ୍ଷେତ୍ରରେ ସହଯୋଗ କରି ଆସୁଥିବା ଆଇନଜୀବୀ ଦାଶ, ଭାଜପାର ଚିନ୍ତାଧାରା ଓ ମୋଦିଙ୍କ ବିକାଶର ଜୟଯାତ୍ରା ପ୍ରତି ଅନୁପ୍ରାଣୀତ ହୋଇ ଦଳରେ ମିଶିଥିବା ପ୍ରକାଶ କରିଛନ୍ତି। ଆଇନଜୀବୀ ପ୍ରଦୀପ ବିହାରୀ, ପୂର୍ବତନ ସରପଞ୍ଚ କୃଷ୍ଣଚନ୍ଦ୍ର ଜେନା, ସ୍ଥାନୀୟ ଅଟୋ ଆସୋସିଏଶନ ସମ୍ପାଦକ ପ୍ରଭଞ୍ଜନ ବିଶ୍ୱାଳ, ବସନ୍ତ କୁମାର ଦାଶ, ହସ୍ତତନ୍ତ ସମିତିର ସଭାପତି ସୁରେନ୍ଦ୍ରନାଥ ବେହେରା, ଶାନ୍ତନୁ ମହାନ୍ତି, ନିତାଇ ବାରିକ, ମନୁଚରଣ ସ୍ୱାଇଁଙ୍କ ସମେତ ଶତାଧିକ ବ୍ୟକ୍ତି ବିଭିନ୍ନ ଦଳ ଛାଡି ଭାଜପାରେ ମିଳିଥିବା ପ୍ରକାଶ କରିଛନ୍ତି। ଆଗାମୀଦିନରେ ଦଳର ଶକ୍ତି ବୃଦ୍ଧି କରି ରଘୁନାଥପୁର ବିଧାୟକ ପ୍ରାର୍ଥୀ ଓ ଜଗତ୍‌ସିଂହପୁର ଲୋକ ସଭା ଆସନ ଏମ୍‌ପି ପ୍ରାର୍ଥୀଙ୍କୁ ଜିତାଇବାକୁ ସଂକଳ୍ପ ବଦ୍ଧ ବୋଲି କହିଛନ୍ତି।

## କୁଜଙ୍ଗରେ କଂଗ୍ରେସର ପ୍ରଚାର

କୁଜଙ୍ଗ,୧୪।୪(ସ୍ୱ.ପ୍ର.)

କୁଜଙ୍ଗରେ କଂଗ୍ରେସ ପକ୍ଷରୁ ଜୋରଦାର ପ୍ରଚାର କରାଯାଉଛି। ପଞ୍ଚାୟତ ସଭାପତି ଧନେଶ୍ୱର ଗୁରୁଙ୍କ ପୌରୋହିତ୍ୟରେ ବ୍ଲକ୍ କଂଗ୍ରେସ ଆବାହକ ଏ.ଏନ୍.ଡି. ଯାଦବ, ୩ନଂ ଜୋନ୍ ସଭାପତି ରମେଶ ଚନ୍ଦ୍ର ଦାସ, ସମ୍ପାଦକ ପ୍ରଶାନ୍ତ ପଟ୍ଟନାୟକ, ନାରାୟଣ ମଲିକ୍, ସୁବୋଧ ନାରାୟଣ ରାଜଗୁରୁ, ଶିଶିର ନାୟକ, ବାବାଜୀ ଚରଣ ଦାସ, ରଶ୍ମୀ ରଞ୍ଜନ ଦାସ, ପ୍ରଦ୍ୟୁମ୍ନ ପଟ୍ଟନାୟକ, ସେକ୍ ରସିଦ୍, ଅଜୟ ବେହେରା, ଶକ୍ତି ପଟ୍ଟନାୟକ, ପ୍ରହ୍ଲାଦ ବେହେରା ପ୍ରମୁଖ ଦଳୀୟ ପ୍ରାର୍ଥୀ ଅରିନ୍ଦମ ସର୍ଖେଲଙ୍କ ପାଇଁ ଜୋରଦାର ପ୍ରଚାର କରିବା ସହ ଇସ୍ତାହାର ପତ୍ର ବଣ୍ଟନ କରୁଛନ୍ତି। ସେହିପରି ସର୍ଖେଲଙ୍କ ସ୍ତ୍ରୀ ମୋନିଦୀପା ମଧ୍ୟ ଘର ଘର ବୁଲି ଭୋଟ ଭିକ୍ଷା କରୁଛନ୍ତି।

## ଟ୍ରଷ୍ଟ ଘରେ ଚାଲିଛି ଦଳୀୟ କାର୍ଯ୍ୟକ୍ରମ

ପାରାଦୀପ,୧୪।୪(ସ୍ୱ.ପ୍ର.)

ପାରାଦୀପ ନିର୍ବାଚନମଣ୍ଡଳୀରୁ ଚଳିତ ନିର୍ବାଚନ ପାଇଁ ୯ଜଣ ନାମାଙ୍କନପତ୍ର ଦାଖଲ କରିଥିଲେ ହେଁ ଅସଲ ଲଢେଇ ବିଜେଡି, କଂଗ୍ରେସ ଓ ଭାଜପା ମଧ୍ୟରେ ହେଉଛି। ୩ ଦଳର ଅଲଗା ଅଲଗା ସ୍ଥାନରେ ଦଳୀୟ କାର୍ଯ୍ୟାଳୟ ରହିଛି। ସେଥିମଧ୍ୟରେ ବିଜେଡି ଓ ଭାଜପାର କାର୍ଯ୍ୟକ୍ରମ ଦଳୀୟ କାର୍ଯ୍ୟାଳୟ ବ୍ୟତିତ ଟ୍ରଷ୍ଟ କାର୍ଯ୍ୟାଳୟରେ ମଧ୍ୟ ଚାଲିଥିବା ଦେଖିବାକୁ ମିଳୁଛି। ସେହି ଟ୍ରଷ୍ଟ ଦ୍ୱୟ ହେଲା ଯଥାକ୍ରମେ ବିଜୁ ପଟ୍ଟନାୟକ ମେମୋରିଆଲ ଟ୍ରଷ୍ଟ ଓ ଅଟଳ ବିହାରୀ ବାଜପେୟୀ ଟ୍ରଷ୍ଟ। ଏହି ଟ୍ରଷ୍ଟ ଦ୍ୱୟକୁ ନୂଆ ବଜାରରେ ପାରାଦୀପ ବନ୍ଦର କର୍ତ୍ତୃପକ୍ଷ ନିର୍ମାଣ କରିଛନ୍ତି। ଟ୍ରଷ୍ଟର ଆଭିମୁଖ୍ୟ ହେଲା ସେଥିରେ ପାଠାଗାର, ବିଭିନ୍ନ ମହାପୁରୁଷଙ୍କ ଜୟନ୍ତୀ ପାଳନ, ବରିଷ୍ଠ ନାଗରିକଙ୍କ ପାଇଁ ପୂଜ୍ୟପୂଜା କାର୍ଯ୍ୟକ୍ରମ ଓ ପୁସ୍ତକମେଳା କରିବା। ଏହା କେତେକାଂଶରେ ପାଳିତ ହୁଏ। ଭାଜପା ଶିବିର ଅଟଳ ବିହାରୀଙ୍କ ନାଁରେ ଓ ବିଜେଡି ଶିବିର ବିଜୁବାବୁଙ୍କ ନାଁରେ ଏହି କାର୍ଯ୍ୟାଳୟ ବନ୍ଦର କର୍ତ୍ତୃପକ୍ଷଙ୍କଠାରୁ ନେଇଛନ୍ତି। କଂଗ୍ରେସ ମଧ୍ୟ ପଛରେ ପଡିନାହିଁ। ପୂର୍ବତନ ଏମ୍‌ପି ବିଭୁ ପ୍ରସାଦ ତରାଇ ଆମ୍ବେଡକର ଭବନ ନାଁରେ ଏକ ବିଶାଳ ଘର ବନ୍ଦରଠାରୁ ନେଇଥିଲେ। ତରାଇ ଏମ୍‌ପି ଥିବାବେଳେ ସେଠାରେ ଦଳୀୟ କାର୍ଯ୍ୟକ୍ରମ ବେଳେବେଳେ ହେଉଥିଲା। ବିଜେଡିର ଦଳୀୟ କାର୍ଯ୍ୟାଳୟ ନୂଆବଜାର ବସ୍ତିରେ ଅଛି। ସେଠାରେ ବିଦ୍ୟୁତ୍ ଓ ପାନୀୟଜଳ ସୁବିଧା ନ ଥିବାରୁ ନେତାମାନେ ଖରାଦିନେ ବସିବା କଷ୍ଟକର ହେଉଛି। ସେହିପରି କଂଗ୍ରେସ କାର୍ଯ୍ୟାଳୟ ଏବେ ତାରିଣୀ ଗଡ଼ାଠାରେ ଏକ ଭଡ଼ାଘରେ ଚାଲିଛି। ଭାଜପା କାର୍ଯ୍ୟାଳୟ ଜିରୋପଏଣ୍ଟଠାରେ ଦଳୀୟ ପ୍ରାର୍ଥୀ ସମ୍ପଦ ସ୍ୱାଇଁଙ୍କ ଘରେ ଚାଲିଛି। ପୋର୍ଟ ଟାଉନ୍‌ସିପରେ ଓ ବନ୍ଦର ଦ୍ୱାରା ନିର୍ମିତ ଟ୍ରଷ୍ଟ ଘରେ ଦଳୀୟ କାର୍ଯ୍ୟକ୍ରମ ଚାଲିବା କେତେବେଳେ ଯେ ନିର୍ବାଚନ କମିଶନଙ୍କ ଦୃଷ୍ଟିରେ ନ ପଡ଼ିବ କହି ହେବ ନାହିଁ।

## ଭାଇରାଲ ହେଉଛି ପୁରୁଣା ଭିଡ଼ିଓ

ପାରାଦୀପ,୧୪।୪(ସ୍ୱ.ପ୍ର.)

ପାରାଦୀପ ବନ୍ଦର ଭିତ୍ତିକ ଶିଳ୍ପାଞ୍ଚଳରେ ଗତ ୫ ଦଶନ୍ଧି ଧରି ଦ୍ୱୈତ ଶାସନ ଚାଲିଛି। କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ନିୟମ ଭିତରେ ଛନ୍ଦିହୋଇ ରହିଛନ୍ତି ବସ୍ତି ବାସିନ୍ଦା। ପୌରାଞ୍ଚଳର ୧୯ ୱାର୍ଡ, ୨୫ ବସ୍ତିରେ ଥିବା ୧୭୪୧୧ ଝୁମ୍ପୁଡ଼ି ଘରକୁ ଅଦ୍ୟାବଧି ସର୍ବନିମ୍ନ ମୌଳିକ ସୁବିଧା ମିଳିପାରିନାହିଁ। ପାନୀୟଜଳ, ବିଦ୍ୟୁତ୍, ଶିକ୍ଷା ଆଦି ଅନେକ ସମସ୍ୟା ରହିଛି। କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ଅନେକ ଯୋଜନାରୁ ଲୋକେ ବଞ୍ଚିତ ହେଉଛନ୍ତି। ତେବେ ଏସବୁର ସମାଧାନ ପାଇଁ ନିର୍ବାଚନ ସମୟରେ ସେମାନଙ୍କୁ ନେତାମାନେ ଅନେକ ପ୍ରତିଶ୍ରୁତି ଦେଉଥିଲେ ମଧ୍ୟ ପରେ ସବୁ ଭୁଲିଯାଇଥାନ୍ତି। ୨୦୧୪ ନିର୍ବାଚନ ସମୟରେ ତତ୍କାଳୀନ ପ୍ରାର୍ଥୀ ଦାମୋଦର ରାଉତଙ୍କୁ ନୂଆବଜାରସ୍ଥିତ ଦଳୀୟ କାର୍ଯ୍ୟାଳୟରେ ଏ ସମ୍ପର୍କରେ ଗଣମାଧ୍ୟମ ପ୍ରତିନିଧିମାନେ ପଚାରିଥିଲେ। ସେତେବେଳେ ଦାମ ତାଚ୍ଛଲ୍ୟ କରି କହିଥିଲେ ବସ୍ତିରେ ସମସ୍ୟା ନ ରହିଲେ ଆମେ ରାଜନୀତି କରିବୁ କିପରି। ସେତେବେଳର ସେହି ଭିଡ଼ିଓ ଏବେ ଭାଇରାଲ ହେବାରେ ଲାଗିଛି। ଚଳିତ ନିର୍ବାଚନରେ ଦାମଙ୍କ ପୁଅ ସମ୍ବିତ ରାଉତରାୟ ବିଜେଡିରୁ ପ୍ରାର୍ଥୀ ହୋଇ ବେକାରୀ ସମସ୍ୟା ଦୂର କରିବାକୁ ଗୁରୁତ୍ୱ ଦେବେ ବୋଲି କହୁଛନ୍ତି। ସେହିପରି ଗତ ବର୍ଷେ ହେଲା ରାଜ୍ୟ ସରକାର ବସ୍ତି ବାସିନ୍ଦାଙ୍କୁ ଥଇଥାନ କରିବାକୁ ସବୁ ଘର ସର୍ଭେ କରିଛନ୍ତି। ତେଣୁ ସମସ୍ତେ ଘର ପାଇବାକୁ ଆଶାବାଦୀ ଅଛନ୍ତି। କିନ୍ତୁ କାହାକୁ ଘର ପାଇଁ ଲ୍ୟାଣ୍ଡ ସାର୍ଟିଫିକେଟ ମିଳିନାହିଁ। ତେଣୁ ଭୋଟର କାହାକୁ ଭୋଟ୍ ଦେବେ ଦ୍ୱନ୍ଦ୍ୱରେ ଅଛନ୍ତି। କାରଣ ପ୍ରଧାନମନ୍ତ୍ରୀ ଆବାସ ଯୋଜନା କେନ୍ଦ୍ର ସରକାର ଦେଉଥିବାବେଳେ ଲ୍ୟାଣ୍ଡ ସାର୍ଟିଫିକେଟ ରାଜ୍ୟ ସରକାର ଦେବେ।

## ଭାଜପାର ନିର୍ବାଚନମଣ୍ଡଳୀ ସ୍ତରୀୟ କର୍ମୀ ସମ୍ମିଳନୀ

ବିରିଡ଼ି,୧୪।୪(ଡି.ଏନ.ଏ)

ଭାଜପାର ତିର୍ତ୍ତୋଲ ନିର୍ବାଚନ ମଣ୍ଡଳୀସ୍ତରୀୟ କର୍ମୀ ସମ୍ମିଳନୀ ରବିବାର ଅଣଖିଆ ସ୍ଥିତ ପ୍ରଧାନମନ୍ତ୍ରୀ କୌଶଳ କେନ୍ଦ୍ର ପରିସରରେ ଅନୁଷ୍ଠିତ ହୋଇଛି। ଏଥିରେ ଜଗତସିଂହପୁର ଏମପି ପ୍ରାର୍ଥୀ ବିଭୁପ୍ରସାଦ ତରାଇ, ତିର୍ତ୍ତୋଲ ନିର୍ବାଚନମଣ୍ଡଳୀ ପ୍ରାର୍ଥୀ ପ୍ରଫେସର ରମାକାନ୍ତ ଭୋଇ, ପୁରଣ ମଣ୍ଡଳ ସଭାପତି ଆଲୋକ ପଣ୍ଡା, ହାଜିପୁର ମଣ୍ଡଳ ସଭାପତି ଶିଶିର ମହାନ୍ତିଙ୍କ ସମେତ ଜିଲା ଭାଜପା ସମ୍ପାଦକ ବିଜୟ ଦାଶ, ରଘୁନାଥପୁର ଜିଲା ପରିଷଦ ସଭ୍ୟ ଅଶୋକ ମହାରଣା, ବିରିଡ଼ି ବ୍ଲକ ଉପାଧ୍ୟକ୍ଷ ଗୀତାଞ୍ଜଳି ସାହୁ, ରଘୁନାଥପୁର ମଣ୍ଡଳ ସଭାପତି ସୁବାସ ଜେନା, ଜଇପୁର ମଣ୍ଡଳ ସଭାପତି ଅଶୋକ ନାୟକ, ଜିଲା କୋଷାଧ୍ୟକ୍ଷ ସୁଧିର ପଣ୍ଡା, ଜିଲା ଉପସଭାପତି ସୁଧିର ଜେନା, ବରିଷ୍ଠ ଭାଜପା ନେତା ହରିହର ବେହେରା, ତିର୍ତ୍ତୋଲ ନିର୍ବାଚନ ମଣ୍ଡଳୀ ପ୍ରଭାରୀ ରାମକୃଷ୍ଣ ପରିଡା, ପୁରଣ ମଣ୍ଡଳ ଯୁବମୋର୍ଚ୍ଚା ସଭାପତି ଅଶ୍ୱିନୀ ରାଉତ, ମହିଳା ମୋର୍ଚ୍ଚା ସଭାନେତ୍ରୀ ସାହିଦା ଖାତୁନ ଯୋଗ ଦେଇଥିଲେ। ଚଳିତ ନିର୍ବାଚନରେ ଦଳୀୟ ପ୍ରାର୍ଥୀଙ୍କୁ ଜିତାଇବାକୁ ସମସ୍ତେ ମିଳିତ ଉଦ୍ୟମ କରିବାକୁ କହିଥିଲେ।



କର୍ମୀ ସମ୍ମିଳନୀରେ ଉପସ୍ଥିତ ଭାଜପା ନେତା ଓ କର୍ମକର୍ତ୍ତା।

## ଗୋପୀନାଥପୁରରେ ବିଜେଡିର ମିଶ୍ରଣ ପର୍ବ

ବିରିଡ଼ି/ବାଲିଆ,୧୪।୪(ଡି.ଏନ୍.ଏ.)

ବିରିଡ଼ି ବ୍ଲକ ବାଲିଆ ଗୋପୀନାଥପୁର ପଞ୍ଚାୟତରେ ରବିବାର ବିଜେଡିର ଏକ ମିଶ୍ରଣ ପର୍ବ ଅନୁଷ୍ଠିତ ହୋଇଛି। ବିଜେଡି ରାଜ୍ୟ ପରିଷଦ ସଭ୍ୟ ନୃସିଂହ ଚରଣ ଦାଶ, ପୂର୍ବତନ ଜିଲା ପରିଷଦ ସଭ୍ୟ ନେତ୍ରାନନ୍ଦ ପାତ୍ର, ବିରିଡି ବ୍ଲକ ବିଜେଡି ଅନୁସୂଚିତ ଜାତି ସେଲ ଅଧ୍ୟକ୍ଷ ଅଜୟ କୁମାର ଭୋଇ, କାହ୍ନୁ ଚରଣ ବେହେରାଙ୍କ ନେତୃତ୍ୱରେ ୱାର୍ଡ ସଭ୍ୟ ଭରତ ଭୋଇ, ଗଜେନ୍ଦ୍ର କୁମାର ସାହୁ, କୃଷ୍ଣଚନ୍ଦ୍ର ଭୋଇ ପ୍ରମୁଖ ବିଜେଡିରେ ସାମିଲ ହୋଇଥିଲେ। ଜଗତ୍‌ସିଂହପୁର ଜିଲା ବିଜେଡି ଉପସଭାପତି ରବି ନାରାୟଣ ଜେନା, ଜିଲା ସମ୍ପାଦକ ପବିତ୍ର ପଶାୟତ, ପୂର୍ବତନ ବ୍ଲକ ବିଜେଡି ସଭାପତି ବିଭୂଦତ୍ତ ସାହୁ, ପୂର୍ବତନ ସରପଞ୍ଚ କାଳନ୍ଦୀ ବସ୍ତିଆ ପ୍ରମୁଖ ଉପସ୍ଥିତ ରହି ସେମାନଙ୍କୁ ସ୍ୱାଗତ କରିଥିଲେ।



ବିରିଡ଼ିରେ ବିଜେଡିରେ ଯୋଗଦେଇଥିବା ନୂତନ କର୍ମୀଙ୍କୁ ସ୍ୱାଗତ କରାଯାଉଛି।

# ତିର୍ତ୍ତୋଲରେ ଅସନ୍ତୁଷ୍ଟଙ୍କୁ ହାତଉଛନ୍ତି ବିଷ୍ଣୁ

ଜଗତ୍‌ସିଂହପୁର ଅଫିସ,୧୪।୪

**ତିର୍ତ୍ତୋଲ ବିଧାନସଭା ନିର୍ବାଚନମଣ୍ଡଳୀ**
- ଏପଟ ସେପଟ ହେଉଛି କଂଗ୍ରେସ ଓ ଭାଜପା ଅଙ୍କ
- ଅସନ୍ତୁଷ୍ଟଙ୍କୁ ବୁଝାଇବା ହେଲାଣି ଚ୍ୟାଲେଞ୍ଜ

ତିର୍ତ୍ତୋଲ ବିଧାନସଭା ନିର୍ବାଚନମଣ୍ଡଳୀରେ ବିଜେଡିର ଅନ୍ତର୍ଦ୍ୱନ୍ଦ୍ୱ ରାଜ୍ୟ ରାଜନୀତିରେ ଅନେକଥର ଚର୍ଚ୍ଚାର ବିଷୟ ହୋଇଛି। ତେଣୁ ଏଠାରେ ବିଷ୍ଣୁ ଚରଣ ଦାସ ଓ ରାଜଶ୍ରୀ ମଲ୍ଲିକଙ୍କ ସମର୍ଥକଙ୍କ ମଧ୍ୟରେ ରହିଥିବା ବିବାଦ ଚଳିତ ରାଜନୀତିରେ କି ମୋଡ଼ ନେବ ତାହା ଉପରେ ସମସ୍ତଙ୍କ ନଜର ରହିଥିଲା। ତେବେ ବିବାଦର ସମାଧାନ ପାଇଁ ବିଜେଡି ଏଠାରେ ବିଷ୍ଣୁଙ୍କୁ ବିଧାୟକ ପ୍ରାର୍ଥୀ କରିବା ସହ ରାଜଶ୍ରୀଙ୍କୁ ଜଗତସିଂହପୁର ଲୋକସଭା ଆସନରୁ ପ୍ରାର୍ଥୀ କରିଥିଲା। ଏହା ଦ୍ୱାରା ଦଳୀୟ ଅନ୍ତର୍ଦ୍ୱନ୍ଦ୍ୱ କିଛିକାଂଶରେ ସମାଧାନ ହୋଇଥିଲେ ମଧ୍ୟ ସମ୍ପୂର୍ଣ୍ଣ ସମାଧାନ ହୋଇପାରି ନ ଥିଲା। କାରଣ ରାଜଶ୍ରୀଙ୍କ ଗୋଷ୍ଠୀ ବିଷ୍ଣୁଙ୍କୁ ଏଠାରୁ ବିଧାୟକ ପ୍ରାର୍ଥୀ ଭାବେ ଗ୍ରହଣ କରିପାରୁ ନ ଥିବାବେଳେ ବିଷ୍ଣୁଙ୍କ ଗୋଷ୍ଠୀ ରାଜଶ୍ରୀଙ୍କୁ ଏମ୍‌ପି ପ୍ରାର୍ଥୀ ଭାବେ ଗ୍ରହଣ କରିବାକୁ ଅମଙ୍ଗ ହେଉଥିଲେ। ଏଭଳି ବିବାଦ ମଧ୍ୟରେ ଅସନ୍ତୁଷ୍ଟ ଗୋଷ୍ଠୀଙ୍କୁ ହାତେଇବାକୁ ଉଭୟ କଂଗ୍ରେସ ଓ ଭାଜପା ଉଦ୍ୟମ ଚଳାଇଥିଲେ। ମାତ୍ର ବିଷ୍ଣୁଙ୍କ ଦୀର୍ଘଦିନର ରାଜନୈତିକ ଅଭିଜ୍ଞତା ଓ କୌଶଳ ଆଗରେ ଏହା କ୍ରମଶଃ ନିଷ୍ପ୍ରଭ ହେବାରେ ଲାଗିଛି।

ସୂଚନା ଅନୁଯାୟୀ, ରାଜଶ୍ରୀ ଓ ବିଷ୍ଣୁଙ୍କ ଭିତରେ ପୂର୍ବରୁ ଯେଉଁ ବିବାଦ ଲାଗି ରହିଥିଲା ତାହା କେତେକାଂଶରେ ପ୍ରଶମିତ ହୋଇଛି। ଉଭୟ ଗୋଷ୍ଠୀର କର୍ମୀ ଏକାଠି ହେବାରେ ଲାଗିଛନ୍ତି। ରାଜଶ୍ରୀଙ୍କ ଗୋଷ୍ଠୀରେ ଥିବା ତିର୍ତ୍ତୋଲ ପଞ୍ଚାୟତ ସମିତି ଅଧ୍ୟକ୍ଷା ସୁଜାତା ମହାନ୍ତି ବିଜେଡି ପ୍ରାର୍ଥୀ ବିଷ୍ଣୁଙ୍କ ନିକଟତର ହୋଇଛନ୍ତି। ଏପରି କି ସେ ତାଙ୍କ ପ୍ରାର୍ଥୀପତ୍ର ଦାଖଲ ସମୟରେ ସମର୍ଥକ ପଡିଛନ୍ତି। ଅନୁରୂପ ଭାବେ ଜିଲା ପରିଷଦ ସଭାପତି ପ୍ରିୟଦର୍ଶିନୀ ବିଶ୍ୱାଳ ଓ ଜିଲା ପରିଷଦ ସଭ୍ୟା ଦୀପାଲି ରାଉଳ ଦଳୀୟ ଶୃଙ୍ଖଳାକୁ ଗୁରୁତ୍ୱ ଦେଇଛନ୍ତି। ସେମାନେ ବିଷ୍ଣୁଙ୍କ ସହ ମିଶି ସାଙ୍ଗଠନିକ କାର୍ଯ୍ୟକୁ ଆଗେଇ ନେବାରେ ସହଯୋଗ କରୁଛନ୍ତି। ରଘୁନାଥପୁର ବ୍ଲକ ଅଞ୍ଚଳରେ ବରାଗୋଳ ସମିତି ସଭ୍ୟ, ଚିକିଣିଆ ସମିତି ସଭ୍ୟା, ଜଗନ୍ନାଥପୁର ସରପଞ୍ଚ, ଧରାଧରପୁର ସରପଞ୍ଚ, ବିଦ୍ୟାଧରପୁର ସମିତି ସଭ୍ୟ, ବିଦ୍ୟାଧରପୁର ସରପଞ୍ଚ, ପୁରୁଣାବସନ୍ତ ସମିତି ସଭ୍ୟା ଓ ସରପଞ୍ଚ ପ୍ରମୁଖ ରାଜଶ୍ରୀଙ୍କ ପାଖ ଲୋକ ଥିଲେ। ସେମାନେ ଦଳୀୟ ଶୃଙ୍ଖଳା ଦୃଷ୍ଟିରୁ ବିଜେଡି ପ୍ରାର୍ଥୀ ଦାସଙ୍କୁ ଜିତାଇବା ପାଇଁ ଉଦ୍ୟମ ଆରମ୍ଭ କରି ଦେଇଛନ୍ତି। ବିରିଡ଼ିରେ ମଧ୍ୟ ଅନୁରୂପ ଅବସ୍ଥା। ଯେହେତୁ ଦାସ ଜଣେ ପୁରୁଖା ନେତା ତେଣୁ ସେ ପ୍ରତ୍ୟେକଙ୍କୁ କିପରି ଏକାଠି କରାଯାଇପାରିବ ସେ ଉପରେ ଗୁରୁତ୍ୱ ଦେଉଛନ୍ତି। ଆଉ ଯେଉଁମାନେ ଅଛନ୍ତି, ସେମାନଙ୍କୁ ପର୍ଯ୍ୟାୟକ୍ରମେ ସନ୍ତୁଷ୍ଟ କରାଯିବ ବୋଲି ଦାସ କହିଛନ୍ତି। ସେପଟେ କଂଗ୍ରେସ ଓ ଭାଜପା ଏହି ଅସନ୍ତୁଷ୍ଟ ଗୋଷ୍ଠୀଙ୍କୁ ହାତେଇବାକୁ ଚାହୁଁଛନ୍ତି। ଚଳିତଥର କଂଗ୍ରେସରୁ ପ୍ରାର୍ଥୀ ହୋଇଛନ୍ତି ଦେବୀ ମଲ୍ଲିକ। ସେ ଜଣେ ଅବସରପ୍ରାପ୍ତ ସରକାରୀ ଅଧିକାରୀ ଓ ପୂର୍ବତନ ବିଧାୟକ ଲକ୍ଷ୍ମଣ ମଲ୍ଲିକଙ୍କ ପୁଅ। ତାଙ୍କ ଉଭଣୀ ପ୍ରତିମା ମଲ୍ଲିକଙ୍କୁ ମଧ୍ୟ ଦଳ ଜଗତ୍‌ସିଂହପୁର ଏମ୍‌ପି ସିଟ୍ ପାଇଁ ପ୍ରାର୍ଥୀ କରିଛି। ଉଭୟ ଭଉଣୀ ଭାଇଙ୍କ ଉପରେ ଆସ୍ଥା ପ୍ରକଟ କରି କଂଗ୍ରେସ ଏମ୍‌ପି ଓ ବିଧାୟକ ପ୍ରାର୍ଥୀ କରିଥିବାରୁ ନିର୍ବାଚନମଣ୍ଡଳୀରେ ଚର୍ଚ୍ଚା ଜୋର ଧରିଛି। ଦେବୀଙ୍କ ନାମାଙ୍କନପତ୍ର ଦାଖଲ ଦିନ ଜଗତ୍‌ସିଂହପୁରରେ ଯେଉଁଭଳି ଗହଳି ଦେଖିବାକୁ ମିଳିଥିଲା ତାହା ଉଭୟ ବିଜେଡି ଓ ଭାଜପାର ଚିନ୍ତା ବଢାଇ ଦେଇଥିଲା। ତେବେ ଦଳ ସାଙ୍ଗଠନିକ କାର୍ଯ୍ୟରେ ଆଶାଜନକ ସୁଧାର ଆଣିବା ଆବଶ୍ୟକ। କୁହାଯାଉଛି ଦେବୀ ଅଦ୍ୟାବଧି ଅନ୍ୟତମ ଆଶାୟୀ ଦେବେନ୍ଦ୍ର ମଲ୍ଲିକଙ୍କ ସହଯୋଗ ଲୋଡି ନାହାନ୍ତି। ଏ ସମ୍ପର୍କରେ ଦେବେନ୍ଦ୍ର କହିଛନ୍ତି, ପ୍ରାର୍ଥୀ ଏ ପର୍ଯ୍ୟନ୍ତ ତାଙ୍କ ଆବଶ୍ୟକତା ଅନୁଭବ କରିନାହାନ୍ତି। ତେଣୁ ଏହା ଉପରେ ସେ ଅଧିକ କିଛି କହିବାକୁ ଚାହାନ୍ତି ନାହିଁ। ଭାଜପା ପ୍ରାର୍ଥୀ ରମାକାନ୍ତ ଭୋଇଙ୍କ ଘର ବିରିଡ଼ି ଅଞ୍ଚଳରେ ହୋଇଥିବାରୁ ସେ ଆଞ୍ଚଳିକ ଭୋଟ୍ ଉପରେ ଗୁରୁତ୍ୱ ଦେଉଛନ୍ତି। ସାଙ୍ଗଠନିକ କାର୍ଯ୍ୟକୁ ମଧ୍ୟ ସେ କ୍ରିୟାଶୀଳ କରୁଛନ୍ତି। ବିଜେଡି ଓ କଂଗ୍ରେସର ଅସନ୍ତୁଷ୍ଟ ଗୋଷ୍ଠୀଙ୍କୁ ସେ ନିଜ ସପକ୍ଷରେ ନେବା ପାଇଁ ଉଦ୍ୟମ କରୁଛନ୍ତି। ଆଗକୁ ଦେଖିବାର ଅଛି ସମୀକରଣ କେଉଁ ମୋଡ ନେଉଛି।

## କନ୍ଧମାଳ ବିଧାନସଭା ନିର୍ବାଚନମଣ୍ଡଳୀ

# ବିଜେଡି, ଭାଜପାକୁ ଅଡୁଆ ସ୍ୱାଧୀନ ପ୍ରାର୍ଥୀ

**ଆଦିତେଶ୍ୱର ମିଶ୍ର**
**କନ୍ଧମାଳ,୧୪।୪**


ମହୀଧର ରଣା


କହ୍ନେଇ ଚରଣ ଡାଙ୍ଗ


ପ୍ରଶାନ୍ତ ସାହୁ


ଶେଷ କୁମାର ମେହେର

ନିର୍ବାଚନ ମଣ୍ଡଳୀ ପୁନର୍ଗଠନ ହେବା ପରେ ବାଲିଗୁଡା ଓ ବୌଦ୍ଧ ନିର୍ବାଚନ ମଣ୍ଡଳୀର ଅଂଶକୁ ନେଇ କନ୍ଧମାଳ ବିଧାନସଭା କ୍ଷେତ୍ର ଗଠିତ ହୋଇଛି। କନ୍ଧମାଳ ନିର୍ବାଚନ ମଣ୍ଡଳୀରୁ ୨୦୧୪ ନିର୍ବାଚନରେ ବିଜେଡିର ମହୀଧର ରଣା ବିଜୟୀ ହୋଇଥିଲେ। ଚଳିତ ନିର୍ବାଚନରେ ମହୀଧର ବିଜେଡି ପ୍ରାର୍ଥୀ ହୋଇଛନ୍ତି। ସେହିପରି କଂଗ୍ରେସରୁ ଆଇନଜୀବୀ ପ୍ରଶାନ୍ତ ସାହୁ, ଭାଜପାର କହ୍ନେଇ ଚରଣ ଡାଙ୍ଗ ନିର୍ବାଚନ ଲଢୁଛନ୍ତି। ସେପଟେ ଶେଷ କୁମାର ମେହେର ସ୍ୱାଧୀନ ପ୍ରାର୍ଥୀ ଭାବେ ପ୍ରତିଦ୍ୱନ୍ଦ୍ୱିତା କରୁଥିବାରୁ ଏହା ବିଜେଡି ପାଇଁ ଅଡୁଆ ପରିସ୍ଥିତି ସୃଷ୍ଟି କରିଛି।

ଚଳିତ ନିର୍ବାଚନରେ ଏଠାରେ କଂଗ୍ରେସ ଚାଷ ଓ ଚାଷୀ ସମସ୍ୟାକୁ ମୁଖ୍ୟ ପ୍ରସଙ୍ଗ କରି ଭୋଟ୍ ହାତେଇବାକୁ ଲକ୍ଷ୍ୟ ରଖିଛି। ୨୦୧୪ ନିର୍ବାଚନରେ ଅନ୍ୟ ଦଳକୁ ଚାଲିଯାଇଥିବା ପାରମ୍ପରିକ ଭୋଟ ଫେରାଇ ଆଣିବାକୁ କଂଗ୍ରେସ ଉଦ୍ୟମ ଚଳାଇଛି। ଧାନର ସର୍ବନିମ୍ନ ସହାୟକ ମୂଲ୍ୟବୃଦ୍ଧି, କୃଷିଋଣ ଛାଡ ସହ ଜଳସେଚନ ପାଇଁ କଂଗ୍ରେସ ପ୍ରତିଶ୍ରୁତି ଦେଉଛି। ସେହିପରି ଭାଜପା ବିଜେଡିର ୧୯ ବର୍ଷର କଳଙ୍କିତ ଶାସନକୁ ସମାଲୋଚନା କରିବା ସହ ମୋଦିଙ୍କ ଲୋକପ୍ରିୟତାକୁ ପାଥେୟ କରି ଭୋଟ୍ ପାଇବାକୁ ଯୋଜନା ଚଳାଇଛି। ଭାଜପା ପ୍ରାର୍ଥୀ କହ୍ନେଇ ଚରଣ ଡାଙ୍ଗଙ୍କ ବୌଦ୍ଧ ବ୍ଲକ ଅଞ୍ଚଳରେ ସଙ୍ଗଠନ ରହିଛି। ସ୍ୱାଧୀନ ପ୍ରାର୍ଥୀ ଶେଷ କୁମାରଙ୍କ ଘର ମଧ୍ୟ ବୌଦ୍ଧ ବ୍ଲକ ଅଞ୍ଚଳରେ ହୋଇଥିବାରୁ ଏହି ବ୍ଲକର ୧୨ଟି ପଞ୍ଚାୟତରେ କହ୍ନେଇ ଓ ଶେଷକୁମାରଙ୍କ ମଧ୍ୟରେ କଡା ଟକ୍କର ହେବ। ଭାଜପା ପ୍ରାର୍ଥୀ କହ୍ନେଇ ଚରଣ କହିଛନ୍ତି ଯେ, ଶିକ୍ଷା, ସ୍ୱାସ୍ଥ୍ୟ ଓ ଗମନାଗମନ ଦୃଷ୍ଟିରୁ କନ୍ଧମାଳ ବହୁ ପଛରେ ରହିଛି। ଜଳସେଚନ ଓ ଚାଷୀ ସମସ୍ୟା ମଧ୍ୟ ଏଠି ଉତ୍କଟ। ସେସବୁ ଦିଗରେ କାର୍ଯ୍ୟ କରିବାକୁ ସେ ପ୍ରତିଶ୍ରୁତିବଦ୍ଧ ଅଟନ୍ତି।

ଅନ୍ୟପକ୍ଷେ ବିଧାୟକ ମହୀଧର ରଣା ତୃଣମୂଳସ୍ତରରେ ବିଜେଡିର ସଙ୍ଗଠନକୁ ଧରି ନିର୍ବାଚନ ବୈତରଣୀ ପାର ହେବକୁ ଆଶା ବାନ୍ଧିଛନ୍ତି। ୧ ନମ୍ବର ଜୋନରେ ତାଙ୍କ ଘର ହୋଇଥିବାରୁ ସେହି ଜୋନ୍‌ର ଭୋଟ୍ ଉପରେ ତାଙ୍କ ବିଜୟ ନିର୍ଭର କରୁଛି। କାରଣ ସେ ଗତ ନିର୍ବାଚନରେ ସେଠାରୁ ବିପୁଳ ଭୋଟ ପାଇ ବିଜୟୀ ହୋଇଥିଲେ। ମହୀଧର କୁହନ୍ତି, ମୋ କାର୍ଯ୍ୟକାଳ ଭିତରେ ଜାମୁଟ ଘାଟରେ ପୋଲ, କନ୍ଧମାଳ, ଘଣ୍ଟାପଡା ଓ ଗବଜୋରଠାରେ ତେଲ ନଦୀରେ ପୋଲ ସହିତ ଜଳସେଚନ କ୍ଷେତ୍ରରେ ଯାହା ପାରିଛି, କାମ କରିଛି। ଆହୁରି ଅଧୁରା ସ୍ୱପ୍ନ ରହିଛି। ନିର୍ବାଚନରେ ବିଜୟୀ ହେଲେ ସେସବୁ ପୂରଣ କରିବି। ହେଲେ ତାଙ୍କ ପାଇଁ ମଧ କଣ୍ଟା ହୋଇ ଠିଆ ହୋଇଛନ୍ତି ସ୍ୱାଧୀନ ପ୍ରାର୍ଥୀ ଶେଷ କୁମାର ମେହେର। କାରଣ ଶେଷ କୁମାର ମେହେର ବିଜେଡିର ବିଦ୍ରୋହୀ ପ୍ରାର୍ଥୀ ଭାବେ ଛିଡା ହୋଇଛନ୍ତି। ବିଜେଡି ସଙ୍ଗଠନର ସବୁ ସ୍ତରରେ ତାଙ୍କର ସମ୍ପର୍କ ଓ ପ୍ରଭାବ ରହିଛି। ତାଙ୍କୁ ବିଧାୟକଙ୍କ ବିପକ୍ଷ ବିଜେଡି ନେତା ଓ କର୍ମୀଙ୍କ ସମର୍ଥନ ମିଳୁଛି। ତାଙ୍କ ସପକ୍ଷରେ ପୂର୍ବତନ ଅଧ୍ୟକ୍ଷ ଶଙ୍କର୍ଷଣ ପ୍ରଧାନ, ସାମନ୍ତ ମାଝୀ ଓ ପୂର୍ବତନ ବିଧାୟକ ଭଗବାନ କହଁରଙ୍କ ସମର୍ଥନ ରହିଛି। ଶଙ୍କର୍ଷଣ ପ୍ରଧାନ ୨ ଓ ୩ ନମ୍ବର ଜୋନରେ ପାରମ୍ପରିକ ବିଜେଡି ଭୋଟକୁ ପ୍ରଭାବିତ କରୁଥିବା ବେଳେ ଭଗବାନ କହଁର ଓ ସାମନ୍ତ ମାଝୀ ୧ ନମ୍ବର ଜୋନରେ ବିଜେଡି ଭୋଟ୍‌କୁ ପ୍ରଭାବିତ କରିବା ଆଶଙ୍କା ରହିଛି। କର୍ମୀମାନଙ୍କ ସହ ପୁରୁଣା ସମ୍ପର୍କ ଓ ଦଳୀୟ ଅସନ୍ତୁଷ୍ଟଙ୍କ ଉପରେ ଶେଷକୁମାରଙ୍କ ବିଜୟ ନିର୍ଭର କରୁଛି। କାରଣ ବର୍ତ୍ତମାନ ପର୍ଯ୍ୟନ୍ତ ଶେଷ କୁମାରଙ୍କୁ ସମର୍ଥନ କରୁଥିବା ବିଜେଡିର ନେତୃସ୍ଥାନୀୟ ବ୍ୟକ୍ତିଙ୍କୁ ବିଧାୟକ ରଣା ତାଙ୍କ ସପକ୍ଷରେ ନେଇ ପାରିନାହାନ୍ତି। ଏଠାକାର ଜଣେ ଭୋଟର ଫଟୁ ରାଜହଂସ କୁହନ୍ତି, ସବୁ ପ୍ରାର୍ଥୀ ସମାନ ସମାନରେ ଯାଉଛନ୍ତି। ଆସନ୍ତା ଦୁଇଦିନ ଭିତରେ ସମୀକରଣ ନ ବଦଳିଲେ ତ୍ରିମୁଖୀ ପ୍ରତିଦ୍ୱନ୍ଦ୍ୱିତା ହୋଇପାରେ। ଚଳିତ ନିର୍ବାଚନରେ ୧୧ ହଜାର ୨୫୬ ଯୁବ ଭୋଟର ଭୋଟ ଦେବେ। ଏହି ଯୁବ ଭୋଟରଙ୍କ ସମର୍ଥନ ଉପରେ ସବୁ ଦଳର ପ୍ରାର୍ଥୀଙ୍କ ନଜର ରହିଛି।

## ବଲାଙ୍ଗୀର ଲୋକ ସଭା ନିର୍ବାଚନମଣ୍ଡଳୀ

# ପ୍ରାର୍ଥୀଙ୍କ ପ୍ରତିଷ୍ଠା ଉପରେ ବାଜି ଲାଗିଛି

**ବୀରେନ୍ଦ୍ର ଝାଙ୍କର**
**ବଲାଙ୍ଗୀର ଅଫିସ, ୧୪।୪**


ସଙ୍ଗୀତା କୁମାରୀ ସିଂଦେଓ


କଳିକେଶ ନାରାୟଣ ସିଂଦେଓ


ସମରେନ୍ଦ୍ର ମିଶ୍ର

### ବଲାଙ୍ଗୀର ଲୋକ ସଭା ୨୦୧୪ ନିର୍ବାଚନ ଫଳାଫଳ

| | | |
|---|---|---|
| କଳିକେଶ ନାରାୟଣ ସିଂଦେଓ | ବିଜେଡି | ୪,୫୩,୫୧୯ |
| ସଙ୍ଗୀତା କୁମାରୀ ସିଂଦେଓ | ଭାଜପା | ୩,୩୯,୨୨୦ |
| ଶରତ ପଟ୍ଟନାୟକ | କଂଗ୍ରେସ | ୨,୭୭,୬୧୬ |

ସଂସଦୀୟ କ୍ଷେତ୍ର ବଲାଙ୍ଗୀରରେ ସବୁବେଳେ ହାଇଭୋଲଟେଜ ଲଢେଇ ହୋଇଥାଏ। ଏଠାକାର ନିର୍ବାଚନ ରାଜନୀତି ଏଥର ଏକ ରୋଚକ ମୋଡରେ ପହଞ୍ଚିଛି। ଭୋଟ ଗ୍ରହଣ ଦିବସ ଆଉ ମାତ୍ର ଚାରିଦିନ ବାକି ଥିବାବେଳେ ତିନି ପ୍ରମୁଖ ରାଜନୈତିକ ଦଳ ବିଜେଡି, ଭାଜପା ଓ କଂଗ୍ରେସ ପ୍ରାର୍ଥୀ ବିଜୟ ପାଇଁ ପ୍ରାଣମୂର୍ଚ୍ଛା ଉଦ୍ୟମ ଚଳାଇଛନ୍ତି। ଏଥିପାଇଁ ସଭା, ଶୋଭାଯାତ୍ରା ଓ ରୋଡ ଶୋ କରାଯାଇ ଭୋଟରଙ୍କୁ ଆକୃଷ୍ଟ କରିବାକୁ ପ୍ରୟାସ କରାଯାଉଛି। ପ୍ରାର୍ଥୀଙ୍କ ପରିବାରର ମହିଳା ସଦସ୍ୟମାନେ ବାହାରି ନିର୍ବାଚନୀ ବାତାବରଣକୁ ସରଗରମ କରି ଦେଇଛନ୍ତି। ବଲାଙ୍ଗୀର ସଦର, ଲୋଇସିଂହା, ଟିଟିଲାଗଡ, କଣ୍ଟାବାଞ୍ଜି, ପାଟଣାଗଡ ଏବଂ ସୁବର୍ଣ୍ଣପୁର ଜିଲାର ସୋନପୁର ଓ ବୀରମହାରାଜପୁର ବିଧାନସଭା କ୍ଷେତ୍ରକୁ ନେଇ ଏହି ଲୋକ ସଭା ନିର୍ବାଚନ ମଣ୍ଡଳୀ ଗଠିତ। ମୋଟ ୧୭ ଲକ୍ଷ ୧୩ ହଜାର ୯୯୬ ଭୋଟର ରହିଛନ୍ତି। ସେମାନଙ୍କ ମଧ୍ୟରୁ ୮ ଲକ୍ଷ ୮୬ ହଜାର ୮୯୯ ଜଣ ପୁରୁଷ ଓ ୮ ଲକ୍ଷ ୨୬ ହଜାର ୯୬୬ ମହିଳା ଭୋଟର ରହିଛନ୍ତି। ୧୩୧ଜଣ ଅନ୍ୟ ଭୋଟର ରହିଛନ୍ତି। ଏଠାରେ ଆଗାମୀ ୧୮ତାରିଖରେ ମତଦାନ ହେବ।

ବିଜେଡି ଏମ୍‌ପି କଳିକେଶ ନାରାୟଣ ସିଂଦେଓଙ୍କୁ ପୁଣି ଥରେ ମଇଦାନରେ ଅବତୀର୍ଣ୍ଣ କରାଇଥିବା ବେଳେ ତାଙ୍କୁ ସାମ୍ନା କରୁଛନ୍ତି ତାଙ୍କ ଭାଉଜ ତଥା ପାରମ୍ପରିକ ପ୍ରତିଦ୍ୱନ୍ଦ୍ୱୀ ଭାଜପାର ସଙ୍ଗୀତା କୁମାରୀ ସିଂଦେଓ। କଂଗ୍ରେସ ବରିଷ୍ଠ ନେତା ନରସିଂହ ମିଶ୍ରଙ୍କ ପୁଅ ସମରେନ୍ଦ୍ର ମିଶ୍ରଙ୍କୁ ପ୍ରାର୍ଥୀ କରିବା ପରେ ପ୍ରତିଦ୍ୱନ୍ଦ୍ୱିତା ତ୍ରିମୁଖୀ ହୋଇଯାଇଥିବା ରାଜନୀତିରେ ରୁଚି ରଖୁଥିବା ଲୋକେ କହିଛନ୍ତି। ମଇଦାନରେ ଅବତୀର୍ଣ୍ଣ ଅନ୍ୟ ପ୍ରାର୍ଥୀମାନଙ୍କର ଉପସ୍ଥିତି ସେତେଟା ଅନୁଭୂତ ହେଲା ଭଳି ମନେ ହେଉନାହିଁ। ତେବେ ଏହି ନିର୍ବାଚନର ଫଳାଫଳ ତିନି ପ୍ରମୁଖ ରାଜନୈତିକ ଦଳର ପ୍ରାର୍ଥୀମାନଙ୍କର ରାଜନୈତିକ ଭବିଷ୍ୟତ ଓ ବ୍ୟକ୍ତିଗତ ପ୍ରତିଷ୍ଠା ଉପରେ ବାଜି ଲାଗିଥିବା କୁହାଯାଉଛି।

ବିଜେଡି–ଭାଜପା ମେଣ୍ଟ ଥିବା ବେଳେ ଲଗାତର ତିନିଥର ଭାଜପାରୁ ପ୍ରାର୍ଥୀ ହୋଇ ବିଜୟ ଲାଭ କରିଥିଲେ ସଙ୍ଗୀତା କୁମାରୀ ସିଂଦେଓ। ମେଣ୍ଟ ଭାଙ୍ଗିବା ପରେ ୨୦୦୯ ଓ ୨୦୧୪ରେ ସେ ବିଜେଡି ପ୍ରାର୍ଥୀ କଳିକେଶ ନାରାୟଣ ସିଂଦେଓଙ୍କଠାରୁ ପରାଜିତ ହୋଇଥିଲେ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଲୋକପ୍ରିୟତା ଓ ୧୯ବର୍ଷର ବିଜେଡି ଶାସନର ବିଫଳତା ତାଙ୍କୁ ନିର୍ବାଚନୀ ବୈତରଣୀ ପାର କରାଇବ ବୋଲି ଆଶା ରଖିଛନ୍ତି ସଙ୍ଗୀତା। ତାଙ୍କ ପାଇଁ ଷ୍ଟାର ପ୍ରଚାରକଭାବେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ସୋନପୁରଠାରେ ଆସି ପ୍ରଚାର କରିଯାଇଛନ୍ତି। କେନ୍ଦ୍ର ପେଟ୍ରୋଲିୟମ ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଉଭୟ ଜିଲାରେ ମାରଥନ ପ୍ରଚାର କରିବା ପରେ ଦଳୀୟ ମହଲରେ ଉତ୍ସାହ ପରିଲକ୍ଷିତ ହୋଇଛି। ଲୋୟର ସୁକ୍‌ତେଲ ଜଳସେଚନ ପ୍ରକଳ୍ପ ଶୀଘ୍ର କାର୍ଯ୍ୟକାରୀ କରିବା, ସବୁ ଗାଁରେ ପାନୀୟ ଜଳପ୍ରକଳ୍ପ, ବଲାଙ୍ଗୀର–ଖୋର୍ଦ୍ଧା ରେଳପ୍ରକଳ୍ପର ଅଗ୍ରଗତି, ବଲାଙ୍ଗୀର ଓ ସୋନପୁର ଅଞ୍ଚଳରେ କୃଷିଭିତ୍ତିକ ଶିଳ୍ପ ପ୍ରତିଷ୍ଠା, ବେକାର ଯୁବତୀ, ଯୁବକଙ୍କୁ ନିଯୁକ୍ତି ତାଙ୍କର ପ୍ରାଥମିକତା ବୋଲି ସଙ୍ଗୀତା କହିଛନ୍ତି। ତେବେ ନିର୍ବାଚନ ପୂର୍ବରୁ ଡା.ବାସୁଦେବ ପତିଙ୍କ ଭଳି କେତେକ ବରିଷ୍ଠ ନେତା ଦଳ ଛାଡି ବିଜେଡିରେ ମିଶିବା ତାଙ୍କୁ ଅକଳରେ ପକାଇବା ଆକଳନ କରାଯାଉଛି।

ବିଜେଡି ପ୍ରାର୍ଥୀ କଳିକେଶ ନାରାୟଣ ସଂଦେଓ ତୃତୀୟ ଥର ପାଇଁ ଏହି କ୍ଷେତ୍ରରୁ ପ୍ରାର୍ଥୀ ହୋଇଛନ୍ତି। ଦଳୀୟ କର୍ମୀ ଓ ନେତାଙ୍କୁ ଧରି ସେ ନିର୍ବାଚନ ମଣ୍ଡଳୀ ଅଧୀନ ସମସ୍ତ ବିଧାନ ସଭା କ୍ଷେତ୍ରରେ ଜୋରଦାର ପ୍ରଚାର ଚଳାଇଛନ୍ତି। ଦଳ ତରଫରୁ ସୋମବାର ଷ୍ଟାର ପ୍ରଚାରକଭାବେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ମାରାଥନ ପ୍ରଚାର କରିବା କାର୍ଯ୍ୟକ୍ରମ ସ୍ଥିରୀକୃତ ହୋଇଛି। କେନ୍ଦ୍ରର ନରେନ୍ଦ୍ର ମୋଦି ସରକାରଙ୍କ ବିଫଳତା ଓ ନବୀନ ପଟ୍ଟନାୟକଙ୍କ ନେତୃତ୍ୱାଧୀନ ବିଜେଡି ସରକାରର ବିଭିନ୍ନ ଲୋକାଭିମୁଖୀ ଯୋଜନାର ସୁଫଳ ତାଙ୍କ ପାଇଁ ପୁଣି ଥରେ ବିଜୟ ଆଣି ଦେବ ବୋଲି କଳିକେଶ କହିଛନ୍ତି। ଲୋୟର ସୁକ୍‌ତେଲ ପ୍ରକଳ୍ପ କାମକୁ ଅବିଳମ୍ବେ ସମାପ୍ତ, ତୁଷରାଠାରେ ପାଇଲଟ୍ ଟ୍ରେନିଂ ସେଣ୍ଟର, ବଲାଙ୍ଗୀର–ଖୋର୍ଦ୍ଧା ରେଳପ୍ରକଳ୍ପକୁ ସୋନପୁର ପର୍ଯ୍ୟନ୍ତ ଶୀଘ୍ର ନିର୍ମାଣ, ସୋନପୁରଠାରେ କୃଷିଭିତ୍ତିକ ଶିଳ୍ପ ପ୍ରତିଷ୍ଠା, ରାଜେନ୍ଦ୍ର ବିଶ୍ୱବିଦ୍ୟାଳୟକୁ ଏକ ଉନ୍ନତମାନର ବିଶ୍ୱବିଦ୍ୟାଳୟ ଭାବେ ଗଢ଼ିବା ତାଙ୍କ ପ୍ରାଥମିକତା ବୋଲି ସେ କହିଛନ୍ତି। ତେବେ ଗତ ଦୁଇ ନିର୍ବାଚନ ପରି ଚଳିତ ଥର କଳିକେଶ କେବଳ ବିରୋଧୀ ନୁହଁନ୍ତି ନିଜ ଦଳ ଭିତରୁ ବି କଡା ଆହ୍ୱାନର ସମ୍ମୁଖୀନ ହେଉଥିବା କୁହାଯାଉଛି। ଲୋଇସିଂହା ବିଧାୟକ ଯୋଗେନ୍ଦ୍ର ବେହେରା ଓ କଣ୍ଟାବାଞ୍ଜି ବିଧାୟକ ଆୟୁବ ଖାଁଙ୍କ ଟିକେଟ କଟିବା ପରେ ଉଭୟ ନେତା ବସ୍ତୁତଃ ନିର୍ବାଚନ ପ୍ରଚାରରୁ ନିଜକୁ ଦୂରେଇ ରଖିଛନ୍ତି। ସେହିପରି ଶ୍ରମିକ ନେତା ଲଳିତ ନାୟକଙ୍କୁ ମଧ ଏଠାରେ ପ୍ରଚାରରେ ଦେଖାଯାଉନାହିଁ। ଏହାର ପ୍ରଭାବ ବିଜେଡି ଭୋଟ ରାଜନୀତି ଉପରେ କେତେ ପ୍ରଭାବ ପକାଇବ ତାହା ଫଳାଫଳ ଘୋଷଣା ପରେ ଜଣା ପଡିବ।

କଂଗ୍ରେସ ପ୍ରାର୍ଥୀ ସମରେନ୍ଦ୍ର ମିଶ୍ର ପ୍ରଥମ ଥର ପାଇଁ ନିର୍ବାଚନରେ ପ୍ରତିଦ୍ୱନ୍ଦ୍ୱିତା କରୁଛନ୍ତି। ତାଙ୍କ ପିତା ନରସିଂହ ମିଶ୍ରଙ୍କ ଲୋକପ୍ରିୟତା ସାଙ୍ଗକୁ ନିଜସ୍ୱ ସାଙ୍ଗଠନିକ ଦକ୍ଷତା ଓ ଲୋକସମ୍ପର୍କ ତାଙ୍କୁ ଅଧିକ ଗ୍ରହଣଶୀଳ କରିବ ବୋଲି ସମରେନ୍ଦ୍ର କହିଛନ୍ତି। ଭାଜପା ଓ ବିଜେଡି ଏମ୍‌ପି ଦୀର୍ଘବର୍ଷ ଧରି ରହିବା ସତ୍ତ୍ୱେ ବଲାଙ୍ଗୀରବାସୀ କିଛି ପାଇ ନ ଥିବାରୁ ଏହା ସିଧାସଳଖ ତାଙ୍କୁ ଫାଇଦା ଦେବ ବୋଲି କହିଛନ୍ତି। ଇତିମଧ୍ୟରେ ପିସିସି ସଭାପତି ନିରଞ୍ଜନ ପଟ୍ଟନାୟକ ଷ୍ଟାର ପ୍ରଚାରକଭାବେ ସମରେନ୍ଦ୍ରଙ୍କ ପାଇଁ ବୀରମହାରାଜପୁର ବ୍ଲକ ଅଞ୍ଚଳରେ ପ୍ରଚାର କରି ସାରିଛନ୍ତି। ଦାଦନ ସମସ୍ୟାର ସ୍ଥାୟୀ ସମାଧାନ, ସ୍ଥାନୀୟ ଅଞ୍ଚଳରେ ଯୁବକଯୁବତୀଙ୍କୁ ନିଯୁକ୍ତି, ଲୋୟର ସୁକ୍‌ତେଲ ସହ ଦୁଇ ଜିଲାରେ ଜଳସେଚନ ପ୍ରକଳ୍ପ, କୃଷିଭିତ୍ତିକ ଶିଳ୍ପପ୍ରତିଷ୍ଠା, ଚାଷୀଙ୍କୁ ୨୬୦୦ ଟଙ୍କାର ଏମ୍‌ଏସ୍‌ପି ସହାୟତା, କୃଷିଋଣ ଛାଡ, ମହିଳା ସ୍ୱୟଂ ସହାୟକ ଗୋଷ୍ଠୀଙ୍କ ଋଣ ଛାଡ ଭଳି ପ୍ରତିଶ୍ରୁତି ଦେଇ ସେ ଭୋଟର ଆଶୀର୍ବାଦ ଲାଭ କରିବାକୁ ଚେଷ୍ଟା କରୁଛନ୍ତି। ତେବେ କଂଗ୍ରେସରେ ଗୋଷ୍ଠୀ କନ୍ଦଳ ତାଙ୍କୁ ଅଡୁଆରେ ପକାଉଥିବା ପ୍ରତୀୟମାନ ହେଉଛି। ଦେଓଗାଁ ବ୍ଲକ ଅଧକ୍ଷା ରୀନା ମେହେର, ବଲାଙ୍ଗୀର ଜିଲା କେନ୍ଦ୍ର ସମବାୟ ବ୍ୟାଙ୍କ ସଭାପତି ଲକ୍ଷ୍ମଣ ମେହେର, ପୂର୍ବତନ ଜିଲା କଂଗ୍ରେସ ସଭାପତି ଭଗବାନ ବଗର୍ତ୍ତୀ ପ୍ରମୁଖ ତାଙ୍କ ପ୍ରାର୍ଥିତ୍ୱକୁ ଚ୍ୟାଲେଞ୍ଜ କରି ଦଳ ଛାଡିବା ସମରେନ୍ଦ୍ରଙ୍କୁ କେତେକାଂଶରେ ପ୍ରଭାବିତ କରିବ ବୋଲି କୁହାଯାଉଛି।

ବଲାଙ୍ଗୀର ଲୋକ ସଭା ନିର୍ବାଚନ ମଣ୍ଡଳୀରେ ଲୋକଙ୍କ ଅନେକ ସମସ୍ୟା ରହିଛି। ଲୋୟର ସୁକ୍‌ତେଲ, ବଲାଙ୍ଗୀର ବାଇପାସ୍ ରାସ୍ତା, ବଲାଙ୍ଗୀର ଟିନିକଲ, ସୋନପୁର ସୂତାକଳ ବନ୍ଦ ପଡିଛି। ଲୋକେ ଧୀରେ ଧୀରେ ସଚେତନ ହେଉଛନ୍ତି ଓ ଏଥର ଉଚିତ୍ ପ୍ରାର୍ଥୀଙ୍କୁ ଭୋଟ୍ ଦେବେ ବୋଲି ସଚେତନ ନାଗରିକ ବାଳକୃଷ୍ଣ ଷଡଙ୍ଗୀ କହିଛନ୍ତି। ସେହିପରି ପୁଇଁନ୍ତଳା ବ୍ଲକ ଅନ୍ତର୍ଗତ କୁରୁଲ ଗ୍ରାମର ରାଜକିଶୋର ନାଏକ କହନ୍ତି, ୧୮ ତାରିଖ ଭୋଟ୍‌ରେ ବିକାଶ କାମ କରିବା ସାମର୍ଥ୍ୟ ଥିବା ପ୍ରାର୍ଥୀଙ୍କୁ ହିଁ ଲୋକେ ଭୋଟ୍ ଦେବେ।

# ବିଜେଡି ଛାଡ଼ିଲେ ସୁଷମାରାଣୀ

**ବାଲେଶ୍ୱର ଅଫିସ, ୧୪।୪**


ସୁଷମାରାଣୀ ବିଶ୍ୱାଳଙ୍କ ଖବରଦାତା ସମ୍ମିଳନୀ।

ବାଲେଶ୍ୱର ଜିଲା ନୀଳଗିରି ବିଧାନସଭା କ୍ଷେତ୍ରରେ ୨୦୧୯ ନିର୍ବାଚନରେ ଭାଜପାରୁ ଟିକେଟ ନ ପାଇବାର ଆଶଙ୍କା କରି ସୁଷମାରାଣୀ ବିଶ୍ୱାଳ ମାର୍ଚ୍ଚ ୧୧ ତାରିଖରେ ବିଜେଡିରେ ଯୋଗ ଦେଇଥିଲେ। ବିଜେଡିର ୩୩ ପ୍ରତିଶତ ମହିଳା ସଂରକ୍ଷଣ ନୀତି ଏବଂ ଦଳୀୟ ନେତୃବର୍ଗଙ୍କ ପ୍ରତିଶ୍ରୁତିରେ ଦଳ ଛାଡ଼ି ବିଜେଡିରେ ଯୋଗଦେଇଥିବା ସୁଷମାରାଣୀ କୌଣସି କାରଣରୁ ବିଧାୟକ ପ୍ରାର୍ଥୀ ଟିକେଟ ପାଇବାରୁ ବଞ୍ଚିତ ହେଲେ। ଏଥିରେ ସେ ଅସନ୍ତୋଷ ପ୍ରକାଶ କରି ରବିବାର ଅପରାହ୍ନରେ ବିଜେଡିର ପ୍ରାଥମିକ ସଦସ୍ୟରୁ ଇସ୍ତଫା ଦେଇଛନ୍ତି। ଏନେଇ ସେ ଏକ ଘରୋଇ ହୋଟେଲ ସମ୍ମିଳନୀ କକ୍ଷରେ ଆୟୋଜିତ ଖବରଦାତା ସମ୍ମିଳନୀରେ ସୂଚନା ଦେଇଛନ୍ତି।

ଚଳିତ ନିର୍ବାଚନରେ ତାଙ୍କର ଭୂମିକା ସମ୍ପର୍କରେ ଖବରଦାତାମାନେ ପ୍ରଶ୍ନ କରିବାରୁ ସେ କହିଛନ୍ତି ଯେ, ବିଜେଡିର ନେତୃତ୍ୱାଧୀନ ବ୍ୟକ୍ତିମାନେ ବାରମ୍ବାର ନିଷ୍ପତ୍ତି ବଦଳାଉଛନ୍ତି। ଚଳିତ ନିର୍ବାଚନରେ ବିଜେଡି ପ୍ରାର୍ଥୀମାନଙ୍କୁ ପରାଜିତ କରିବା ପାଇଁ ସେ ବାଲେଶ୍ୱର ତଥା ନୀଳଗିରିବାସୀଙ୍କୁ ଆହ୍ୱାନ କରିବେ। ଅନ୍ୟପକ୍ଷରେ ସେ ପୁନର୍ବାର ଭାଜପାରେ ସାମିଲ ହେବା ନେଇ ସୂଚନା ମିଳୁଥିଲେ ମଧ ସେ ସ୍ପଷ୍ଟ କରି ନ ଥିଲେ। ଖବରଦାତା ସମ୍ମିଳନୀରେ ଯୁବନେତା କମ୍ବୁନାଥ ମଲ୍ଲିକ ଓ ବେଗୁନିଆ ପଞ୍ଚାୟତର ପୂର୍ବତନ ନାଏବ ସରପଞ୍ଚ ଲକ୍ଷ୍ମୀକାନ୍ତ ଜେନା ଉପସ୍ଥିତ ଥିଲେ। ଉଲ୍ଲେଖଯୋଗ୍ୟ ଯେ, ଗତ ୨୦୧୪ ସାଧାରଣ ନିର୍ବାଚନରେ ଭାଜପାର ବିଧାୟିକା ପ୍ରାର୍ଥିନୀ ସୁଷମାରାଣୀ ପ୍ରତିଦ୍ୱନ୍ଦ୍ୱିତା କରି ୩୭ହଜାରରୁ ଊର୍ଦ୍ଧ୍ୱ ଭୋଟରେ ବିଜେଡି ପ୍ରାର୍ଥୀ ଇଂ. ସୁକାନ୍ତ ନାୟକଙ୍କଠାରୁ ପରାଜିତ ହୋଇଥିଲେ।

## ବାରବାଟୀ–କଟକ ବିଧାନସଭା ଆସନ

# ଯାଦବ, ସଂଖ୍ୟାଲଘୁ ଭୋଟକୁ ନେଇ ତର୍ଜମା

**ନିର୍ମଳ ପଣ୍ଡା**
**କଟକ ଅଫିସ, ୧୪।୪**


ଦେବାଶିଷ ସାମନ୍ତରାୟ


ମହମ୍ମଦ ମୋକିମ


ସମୀର ଦେ

ଏପ୍ରିଲ ୨୩ ତାରିଖରେ ବାରବାଟୀ–କଟକ ନିର୍ବାଚନମଣ୍ଡଳୀରେ ମତଦାନ ଅନୁଷ୍ଠିତ ହେବ। ଆଉ ଅଳ୍ପଦିନ ଥିବାରୁ ପ୍ରାର୍ଥୀମାନେ ଦିନରାତି ଏକାକାର କରିଦେଇଛନ୍ତି। ଚଳିତ ନିର୍ବାଚନରେ ଏହି ଆସନରେ ୧୦ ଜଣ ପ୍ରାର୍ଥୀ ପ୍ରତିଦ୍ୱନ୍ଦ୍ୱିତା କରୁଛନ୍ତି। ହେଲେ ଲଢେଇ ମୁଖ୍ୟତଃ ବିଜେଡି, କଂଗ୍ରେସ ଓ ଭାଜପା ମଧ୍ୟରେ ହେବ ବୋଲି ଅନୁମାନ କରାଯାଉଛି। ବାରବାଟୀ–କଟକ ଆସନରେ ମୋଟ ଭୋଟର ସଂଖ୍ୟା ୨ ଲକ୍ଷ ୨୭ହଜାର ୭୭୭। ସେଥିରୁ ଯାଦବ ଭୋଟରଙ୍କ ସଂଖ୍ୟା ପାଖାପାଖି ୨୨ହଜାର ଥିବାବେଳେ ମୁସ୍‌ଲିମ୍ ଭୋଟରଙ୍କ ସଂଖ୍ୟା ପ୍ରାୟ ୩୬ହଜାର ରହିଛି। ଏଣୁ ଯାଦବ ଓ ସଂଖ୍ୟାଲଘୁ ଭୋଟକୁ ନେଇ ଏବେ ତର୍ଜମା ଚାଲିଛି।

୨୦୧୪ରେ ଯାଦବ ନେତା ଆଶୀର୍ବାଦ ବେହେରା ବିଜେଡି ସପକ୍ଷରେ ପ୍ରଚାର କରିଥିବାବେଳେ ଚଳିତଥର ମଧ ବିଜେଡିକୁ ସମର୍ଥନ ଦେବେ ବୋଲି ଖୋଲାଖୋଲି ଭାବେ କହିଛନ୍ତି। ସୂଚନାଥାଉକି, ଆଶୀର୍ବାଦଙ୍କୁ ନେଇ ବାରବାଟୀ–କଟକରେ ନୂଆ ସମୀକରଣ ସୃଷ୍ଟିହେବ ବୋଲି ଆକଳନ କରାଯାଉଥିଲା। କାରଣ ଆଶୀର୍ବାଦ ଏଠାରୁ ବିଜେଡିରୁ ପ୍ରାର୍ଥୀ ହେବା ପାଇଁ ଟିକେଟ ଦୌଡ଼ରେ ଥିଲେ। ହେଲେ ଶେଷ ମୁହୂର୍ତ୍ତରେ ବିଜେଡି ଦେବାଶିଷଙ୍କୁ ପ୍ରାର୍ଥୀ ଘୋଷଣା କରିବା ପରେ ଆଶୀର୍ବାଦଙ୍କ ପରବର୍ତ୍ତୀ ଆଭିମୁଖ୍ୟକୁ ନେଇ ଚର୍ଚ୍ଚା ଆରମ୍ଭ ହୋଇଥିଲା। ମାତ୍ର ଆଶୀର୍ବାଦଙ୍କୁ ମନାଇବାରେ ବିଜେଡି ନେତୃତ୍ୱ ସଫଳ ହୋଇଛନ୍ତି। ମାତ୍ର ଯାଦବ ସମ୍ପ୍ରଦାୟରୁ ହେମନ୍ତ ବେହେରା ସ୍ୱାଧୀନ ପ୍ରାର୍ଥୀ ଭାବେ ମଇଦାନକୁ ଓହ୍ଲାଇଛନ୍ତି। ତେଣୁ ହେମନ୍ତ କେତେ ମାତ୍ରାରେ ଯାଦବ ଭୋଟକୁ ନିଜ ସପକ୍ଷରେ ନେବାରେ ସକ୍ଷମ ହେବେ ତାହା ସବୁଠୁ ଗୁରୁତ୍ୱପୂର୍ଣ୍ଣ ହୋଇଛି। ଜଣେ ଯାଦବ ଭୋଟର କାର୍ତ୍ତିକେଶ୍ୱର ବେହେରା କୁହନ୍ତି, କଟକକୁ ଭଲ ପାଉଥିବା ନେତାଟିଏ ଦରକାର। ଜାତି କଥା ପଛରେ। ଜାତିକୁ ନେଇ ରାଜନୀତି କଟକରେ ହୋଇନାହିଁ କି ହେବନାହିଁ। ମୌଳିକ ସମସ୍ୟାକୁ ଦୂର କରିପାରିବା ଭଳି ସାହସ ଥିବା ନେତାକୁ କଟକବାସୀ ବାଛିବେ। ଆଉ ବାହୁସ୍ଫୋଟ କଥା ଓ ଟଙ୍କାର ବଳ କାମ ଦେବ ନାହିଁ ବୋଲି କାର୍ତ୍ତିକେଶ୍ୱର କହିଛନ୍ତି।

ସେହିପରି ସଂଖ୍ୟାଲଘୁ ସମ୍ପ୍ରଦାୟରୁ ଏବେ ମହମ୍ମଦ ମୋକିମ ଓ ସେକ୍ ମୁନ୍ତାକିମ ବକ୍ସ ପ୍ରାର୍ଥୀ ହୋଇଛନ୍ତି। ୨୦୧୪ ଫଳାଫଳ ଅନୁଯାୟୀ ମୁସ୍‌ଲିମ୍‌ବହୁଳ ବୁଥ୍‌ଗୁଡ଼ିକରୁ ବିଜେଡି ୧୨ହଜାର ଭୋଟ ପାଇଥିବା ବେଳେ କଂଗ୍ରେସ ୧୬ହଜାର ଭୋଟ ପାଇଥିଲା। ଏବେ ନିର୍ବାଚନୀ ମଇଦାନରେ ୨ ଜଣ ମୁସ୍‌ଲିମ ପ୍ରାର୍ଥୀ ଅଛନ୍ତି ତେଣୁ ଏହି ଭୋଟ ଭାଗ ହେବାର ଆଶଙ୍କା ରହିଛି। ମାତ୍ର ମୁସ୍‌ଲିମ୍ ସମ୍ପ୍ରଦାୟର ଅଧିକାଂଶ ନେତା ବିଜେଡି ପ୍ରାର୍ଥୀଙ୍କ ପାଇଁ ପ୍ରଚାର କରୁଛନ୍ତି। ସେମାନଙ୍କ ମଧ୍ୟରେ ମହମ୍ମଦ ଶକିଲ, ସେକ୍ କମରୁଦ୍ଦିନ, ଏକ୍ରାମ ହୁସେନ, ଡ. ମହମ୍ମଦ ଆୟୁବ, ରମଜାନ ଖାଁ ଓ ଆଡଭୋକେଟ ସେକ୍ ଶରିଫ ପ୍ରମୁଖ ରହିଛନ୍ତି। ମୁସ୍‌ଲିମ୍ ଭୋଟ ଯଦି ଧ୍ରୁବୀକରଣ ହୁଏ ତେବେ ତାହା ବିଜେଡି କିମ୍ବା କଂଗ୍ରେସ ମଧ୍ୟରୁ କାହାକୁ ଫାଇଦା ଦେବ ସେ ନେଇ ରାଜନୈତିକ ସମୀକ୍ଷକମାନେ କୌଣସି ସିଦ୍ଧାନ୍ତରେ ଉପନୀତ ହୋଇପାରୁନାହାନ୍ତି। ଏନେଇ କଂଗ୍ରେସ ପ୍ରାର୍ଥୀ ମହମ୍ମଦ ମୋକିମଙ୍କ କହିବାନୁଯାୟୀ, ଜାତିକୁ ନେଇ କଟକରେ ଭୋଟ ହୁଏ ନାହିଁ। ଏଠାରେ ଅନେକ ସମସ୍ୟା ରହିଛି, ଯାହାକୁ ଲୋକେ ରାତିପାହିଲେ ସାମ୍ନା କରୁଛନ୍ତି। ଅସରାଏ ବର୍ଷାରେ ଲୋକଙ୍କ ଚୁଲିରେ ପାଣି ପଶୁଛି। ସହରକୁ ଜଳବନ୍ଦୀରୁ ମୁକ୍ତ କରିବା, ମଶାଙ୍କ କବଳରୁ ସହରକୁ ମୁକ୍ତକରିବା, ଟ୍ରାଫିକ ସମସ୍ୟା ଦୂର କରିବା ଆଦି ପ୍ରସଙ୍ଗକୁ ନେଇ ସେ ଲୋକଙ୍କ ପାଖକୁ ଯାଉଛନ୍ତି। ଲୋକେ ଏହିସବୁ ପ୍ରସଙ୍ଗକୁ ଗ୍ରହଣ କରୁଥିବା ସେ ହୃଦୟଙ୍ଗମ କରୁଛନ୍ତି। କଟକବାସୀ ଅତୀତରେ ବିଜେଡି ଓ ଭାଜପାକୁ ବହୁବାର ଭୋଟ ଦେଇ ପ୍ରତାରଣାର ଶିକାର ହୋଇଛନ୍ତି। ତେଣୁ କଂଗ୍ରେସକୁ ଭୋଟ ଦେବାକୁ ଲୋକଙ୍କ ମଧ୍ୟରେ ଆଗ୍ରହ ଥିବା ଦେଖିବାକୁ ପାଉଛନ୍ତି ବୋଲି ମୋକିମ କହିଛନ୍ତି। ଆମ୍ ଆଦ୍‌ମୀ ପାର୍ଟି ପ୍ରାର୍ଥୀ ମୁନ୍ତାକିମ୍ ବକ୍ସ କୁହନ୍ତି, ସହରବାସୀଙ୍କୁ ନାଳନର୍ଦ୍ଦମାରେ ବୁଡ଼ାଇ ରଖିଥିବା ଲୋକେ ପ୍ରାର୍ଥୀ ହୋଇ ଭୋଟ ମାଗୁଛନ୍ତି। ସବୁ ସମ୍ପ୍ରଦାୟର ଲୋକେ ତାଙ୍କୁ ଭୋଟ ଦେବେ ବୋଲି ମୁନ୍ତାକିମ୍ ଆଶାବାଦୀ ଥିବା କହିଛନ୍ତି। ସେହିପରି ଜଣେ ମହମ୍ମଦ ସାହିଦ କୁହନ୍ତି ଯେ, ଜାତିକୁ ଦେଖି ଲୋକ ଭୋଟ ଦେବେନି। ଯିଏ ସତରେ ଲୋକଙ୍କ ପାଇଁ କାମ କରିଛି ସାଧାରଣ ଲୋକ ତାକୁ ହିଁ ଭୋଟ ଦେବେ। ମଣିଷପଣିଆ ରହୁଥିବା ନେତାଙ୍କୁ ଏଥର କଟକବାସୀ ବାଛିବେ ବୋଲି ତାଙ୍କର ଆଶା। ନାଳନର୍ଦ୍ଦମା, ମଶା ସମସ୍ୟାରେ ଘାଣ୍ଟି ହେଉଥିବା କଟକିଆ ଭୁଲ ବିଚାର କଲେ ଏଥିରେ ଆହୁରି ୫ ବର୍ଷ ଘାଣ୍ଟି ହେବେ ବୋଲି ସାହିଦ୍ କହିଛନ୍ତି।

ବିଜେଡି ପ୍ରାର୍ଥୀ ଦେବାଶିଷ ସାମନ୍ତରାୟଙ୍କ କହିବାନୁଯାୟୀ, ସବୁ ସମ୍ପ୍ରଦାୟ ବିଜେଡି ସହିତ ଅଛନ୍ତି। ନବୀନ ସରକାରଙ୍କ ସମୟରେ କଟକର ଅନେକ ବିକାଶ ହୋଇଛି। ଜାଇକା ପ୍ରକଳ୍ପଠାରୁ ଆରମ୍ଭ କରି ସହର ଆଲୋକୀକରଣ, ସୌନ୍ଦର୍ଯ୍ୟକରଣ ଅନେକ କାର୍ଯ୍ୟ ସାଧିତ ହୋଇଛି। ନବୀନ ସରକାରର ବିକାଶକୁ ଓ ଜନକଲ୍ୟାଣକାରୀ ଯୋଜନାକୁ ନେଇ ସେ ଲୋକଙ୍କ ପାଖକୁ ଯାଉଛନ୍ତି। ଲୋକେ ତାହାକୁ ଗ୍ରହଣ କରୁଛନ୍ତି ବୋଲି ସାମନ୍ତରାୟ କହିଛନ୍ତି।

ଭାଜପା ପ୍ରାର୍ଥୀ ସମୀର ଦେ ମଧ ଅନୁରୂପ ଢଙ୍ଗରେ କହିଛନ୍ତି। କଟକ ଭାଇଚାରାର ସହର। ଏଠାରେ ଜାତିଭିତ୍ତିକ ଭୋଟ ହୁଏନାହିଁ। ସହରକୁ ଆବର୍ଜନାମୁକ୍ତ କରିବା ସହିତ ଲୋକଙ୍କ ମୌଳିକ ସମସ୍ୟା ସମାଧାନ କରିବା ପାଇଁ ଭାଜପା ପ୍ରତିଶ୍ରୁତିବଦ୍ଧ। ଲୋକଙ୍କ ପାଖକୁ ଯିବା ସମୟରେ ଲୋକେ ଭୋଗୁଥିବା ମୌଳିକ ସମସ୍ୟା ଆମ ଆଗରେ ବଖାଣୁଛନ୍ତି। ଭାଜପା କ୍ଷମତାକୁ ଆସିବା ମାତ୍ରେ ପ୍ରଥମେ ଲୋକଙ୍କୁ ସାଥିରେ ଧରି ସେମାନଙ୍କ ସମସ୍ୟାକୁ ସମାଧାନ କରାଯିବ ବୋଲି ସମୀର କହିଛନ୍ତି।

### ୨୦୧୪ର ଫଳାଫଳ

| | | |
|---|---|---|
| ବିଜେଡି | ଦେବାଶିଷ ସାମନ୍ତରାୟ | ୫୭,୬୭୩ |
| କଂଗ୍ରେସ | ଇଂ. ମହମ୍ମଦ ମୋକିମ୍ | ୪୩,୩୩୫ |
| ଭାଜପା | ପ୍ରଦୀପ ସ୍ୱାଇଁ | ୨୦,୫୫୨ |
| ବିଏସ୍‌ପି | ସୟଦ ସଫିକ୍ ଅଲି | ୨୭୪ |
| ଏସ୍‌ୟୁସିଆଇ | ପ୍ରତାପ ଚନ୍ଦ୍ର ମିଶ୍ର | ୨୦୭ |
| ଏଏପି | ସେକ୍ ମୁନ୍ତାକିମ୍ ବକ୍ସ | ୧୦୧୨ |
| ଏଓପି | ମହମ୍ମଦ ଓ୍ୱହିଦ ଶକିଲ | ୭୭୧ |
| ସ୍ୱାଧୀନ | ବିପିନ ବିହାରୀ ସାହୁ | ୧୨୫ |
| ସ୍ୱାଧୀନ | ଡା. ରମାରମଣ ଷଡ଼ଙ୍ଗୀ | ୬୭୭ |
| ନୋଟା | | ୧୨୩୮ |

### ୨୦୧୯ର ପ୍ରାର୍ଥୀ

| | |
|---|---|
| ଦେବାଶିଷ ସାମନ୍ତରାୟ | ବିଜେଡି |
| ମହମ୍ମଦ ମୋକିମ | କଂଗ୍ରେସ |
| ସମୀର ଦେ | ଭାଜପା |
| ପ୍ରିୟଦର୍ଶନ ପାଢୀ | ଏସ୍‌ୟୁସିଆଇ |
| ଶୀତଲ କିନ୍ନର | ହିନ୍ଦୁ ମହାସଭା |
| ସେକ୍ ମୁନ୍ତାକିମ୍ ବକ୍ସ | ଏଏପି |
| ଜୟଶଙ୍କର ଆଚାର୍ଯ୍ୟ | କଳିଙ୍ଗସେନା |
| ଦୀପକ କୁମାର ମହାନ୍ତ | ହିନ୍ଦୁସ୍ଥାନ ନିର୍ମାଣ ଦଳ |
| ବିଶ୍ୱନାଥ ରାଉତ | କୃପା ପାର୍ଟି |
| ହେମନ୍ତ ବେହେରା | ସ୍ୱାଧୀନ |

ଧରିତ୍ରୀ
DHARITRI
ସୋମବାର, ୧୫ ଏପ୍ରିଲ , ୨୦୧୯




# ଅତ୍ୟଧିକ ମିଠା ଖାଇଲେ..



ସାଧାରଣତଃ ମିଠାଜାତୀୟ ଖାଦ୍ୟ ଦେଖିଲେ ଅଧିକାଂଶଙ୍କ ପାଟିରୁ ଲାଳ ଗଡ଼େ। ଯଦି ଆପଣ ଅଧିକ ପରିମାଣର ମିଠା ଖାଉଛନ୍ତି ତେବେ ସେଥିରେ ବ୍ରେକ୍ ଲଗାନ୍ତୁ। ନ ହେଲେ ଏହାଦ୍ୱାରା ଆପଣଙ୍କର ସ୍ମରଣଶକ୍ତି ପ୍ରଭାବିତ ହୋଇପାରେ। ଏଭଳି ସତର୍କ ସୂଚନା ଦେଇଛନ୍ତି ୟୁନିଭର୍ସିଟି ଅଫ୍ ଲଣ୍ଡନର ପୁଷ୍ଟିବିଜ୍ଞାନୀମାନେ। ସାଧାରଣ ଭାବରେ ମିଠା ଖାଉଥିବା ଏବଂ ଆବଶ୍ୟକତାଠାରୁ ଅଧିକ ମିଠା ଖାଉଥିବା କେତେଜଣ ବ୍ୟକ୍ତିଙ୍କର ସ୍ମରଣଶକ୍ତିକୁ ସେମାନେ ପରୀକ୍ଷା କରିଥିଲେ। ହେଲେ ଆଶ୍ଚର୍ଯ୍ୟଜନକ ଭାବରେ ଅଧିକ ମିଠା ଖାଉଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ପାଖାପାଖି ୪୫ ପ୍ରତିଶତ ବ୍ୟକ୍ତିଙ୍କର ସ୍ମରଣ ଶକ୍ତିରେ ତାରତମ୍ୟ ଦେଖିବାକୁ ମିଳିଥିଲା। ଅପରପକ୍ଷରେ ଯଦି ଆପଣ ଡାଇବେଟିସ୍ ଦ୍ୱାରା ଆକ୍ରାନ୍ତ ତେବେ ଏପରି ଅଭ୍ୟାସରେ ପରିବର୍ତ୍ତନ ଆଣିବା ଦରକାର ବୋଲି ସେମାନେ ପରାମର୍ଶ ଦେଇଛନ୍ତି।

# ମ୍ୟୁଜିକ ଲଭର ରୋବୋ

କେବଳ ମଣିଷ ନୁହନ୍ତି, ରୋବୋ ମଧ୍ୟ ସଙ୍ଗୀତ ପ୍ରେମରେ ପଡ଼ିପାରେ। ଏପରି ଏକ ମ୍ୟୁଜିକ ଲଭର ରୋବୋ ନିକଟରେ ପ୍ରସ୍ତୁତ କରିଛନ୍ତି ଚାଇନାର ବିଶେଷଜ୍ଞମାନେ। ନିଜକୁ ଖୁସ୍ ରଖିବା



ପାଇଁ ସେ ନିଜେ ମନ ପସନ୍ଦର ଗୀତ ଶୁଣିପାରିବ। କେବଳ ସେତିକି ନୁହେଁ, ଅନ୍ୟମାନଙ୍କୁ ଆକର୍ଷିତ କରିବା ଭଳି ଟ୍ୟୁନିଂ ମଧ୍ୟ ବଜାଇପାରିବ। ବିଶେଷଭାବରେ ପିଆନୋ ବଜାଇବାରେ ଏପରି ରୋବୋ ବେଶ୍ ଏକ୍ସପର୍ଟ। ଯଦି ଜଣେ ବ୍ୟକ୍ତି ଟେନ୍ସନରେ ଅଛନ୍ତି ତେବେ କିଛି ସମୟ ଏହି ରୋବୋ ପାଖରେ ବିତାଇଲେ ସେ ଅନେକାଂଶରେ ଆରାମ ଅନୁଭବ କରିପାରିବେ। ସେହି ସମୟରେ ରୋବେ ଉକ୍ତ ବ୍ୟକ୍ତିଙ୍କ ମାନସିକତାକୁ ଅନୁଧ୍ୟାନକରି ତାଙ୍କ ମନ ପସନ୍ଦ ଅନୁସାରେ ଗୀତ ଏବଂ ପିଆନୋ ଟ୍ୟୁନିଂ ଶୁଣାଇପାରିବ।

# ନିୟନ୍ତ୍ରିତ ଆହାର



ଡା. ଆଶିଷ ବାନାର୍ଜୀ

**ସୁସ୍ଥ, ନୀରୋଗ ଓ ସୁନ୍ଦର ସ୍ୱାସ୍ଥ୍ୟ ପାଇଁ ଦୈନିକ ମାତ୍ରା ଅନୁଯାୟୀ ପୌଷ୍ଟିକ ଆହାର ସେବନ ଆବଶ୍ୟକ। ଯେପରି ରୋଗୀ ପାଇଁ ବୟସ କାଳ, ପରିସ୍ଥିତି ଦେଖି ଔଷଧ ମାତ୍ରା ନିର୍ଦ୍ଧାରଣ କରାଯାଏ, ସେହିପରି ଶରୀରକୁ ଦେଖି ଖାଦ୍ୟକୁ ଔଷଧ ପରି ମାତ୍ରାନୁଯାୟୀ ଠିକ୍ ସମୟରେ ଗ୍ରହଣ କରିବା ଉଚିତ, ନଚେତ୍ ଭବିଷ୍ୟତରେ ଔଷଧକୁ ଆହାର ରୂପେ ଖାଇବେ। ଜଣେ ସୁସ୍ଥ ବ୍ୟକ୍ତି ପ୍ରତିଦିନ ୧୫୦୦ ରୁ ୨୫୦୦ କ୍ୟାଲୋରି ପର୍ଯ୍ୟନ୍ତ ଖାଦ୍ୟ ଖାଇବା ଉଚିତ। ଏହା ତାଙ୍କ ବୟସ, ଶାରୀରିକ ପରିଶ୍ରମ, ଉଚ୍ଚତା, ଦେଶ ଓ କାଳ ଅନୁଯାୟୀ ନିର୍ଦ୍ଧାରଣକରି ତାଲିକା ପ୍ରସ୍ତୁତ ହୁଏ...**



ରୋଗ ପାଇଁ ଅନିୟମିତ ଆହାର ଦାୟୀ। ତେଣୁ ସୁସ୍ଥ, ନୀରୋଗ ଓ ସୁନ୍ଦର ସ୍ୱାସ୍ଥ୍ୟ ନିମନ୍ତେ ଦୈନିକ ମାତ୍ରା ଅନୁଯାୟୀ ପୌଷ୍ଟିକ ଆହାର ସେବନ ଆବଶ୍ୟକ। ଯେପରି ରୋଗୀ ପାଇଁ ବୟସ କାଳ, ପରିସ୍ଥିତି ଦେଖି ଔଷଧ ମାତ୍ରା ନିର୍ଦ୍ଧାରଣ କରାଯାଏ, ସେହିପରି ଶରୀରକୁ ଦେଖି ଖାଦ୍ୟକୁ ଔଷଧ ପରି ମାତ୍ରାନୁଯାୟୀ ଠିକ୍ ସମୟରେ ଗ୍ରହଣ କରିବା ଉଚିତ, ନଚେତ୍ ଭବିଷ୍ୟତରେ ଔଷଧକୁ ଆହାର ରୂପେ ଖାଇବେ। ଜଣେ ସୁସ୍ଥ ବ୍ୟକ୍ତି ପ୍ରତିଦିନ ୧୫୦୦ ରୁ ୨୫୦୦ କ୍ୟାଲୋରି ପର୍ଯ୍ୟନ୍ତ ଖାଦ୍ୟ ଖାଇବା ଉଚିତ। ଏହା ତାଙ୍କ ବୟସ, ଶାରୀରିକ ପରିଶ୍ରମ, ଉଚ୍ଚତା, ଦେଶ ଓ କାଳ ଅନୁଯାୟୀ ନିର୍ଦ୍ଧାରଣକରି ତାଲିକା ପ୍ରସ୍ତୁତ ହୁଏ। ନୀରୋଗ ରହିବା ପାଇଁ ସନ୍ତୁଳିତ ଖାଦ୍ୟ, ହାଲ୍‌କା ବ୍ୟାୟାମ(୪୫ ମି. ରୁ ୧ ଘ. ପର୍ଯ୍ୟନ୍ତ) କରିବା ଆବଶ୍ୟକ। ପତଳା ବା କୃଶକାୟ ବ୍ୟକ୍ତି ପ୍ରୋଟିନ୍‌ଯୁକ୍ତ ଆହାର ଯଥା: କ୍ଷୀର, ଛେନା, ଖୁଆ, ପନିର , ମାଛ, ମାଂସ, ଅଣ୍ଡାର ଧଳା ଅଂଶ, କାଜୁ, ପେସ୍ତା, ଛୋଟ ମାଛ, ଫଳ ଇତ୍ୟାଦି ମାତ୍ରାନୁଯାୟୀ ଖାଇବା ଆବଶ୍ୟକ। ମାତ୍ର ମୋଟା ବା ସ୍ଥୂଳକାୟ ବ୍ୟକ୍ତିମାନେ ଦୈନିକ ଶାରୀରିକ ପରିଶ୍ରମ ସହ ତେଲ, ଚର୍ବି, ପ୍ରୋଟିନ୍ ରହିତ ଖାଦ୍ୟ ଖାଇବା ଉଚିତ। ଶାଗ, ପନିପରିବା, ତରକାରି ଓ ସାଲାଡ୍ ଖାଇବା ସହ ଚିନ୍ତା, କ୍ରୋଧ, ଅହଂକାରକୁ ମନରୁ ଅପସରି ଦେବା ଉଚିତ। ୧ ପାଉଣ୍ଡ ଚର୍ବି ପାଇଁ ୩୫୦୦ କ୍ୟାଲୋରି ଶକ୍ତି ଖର୍ଚ୍ଚ କରିବା ଆବଶ୍ୟକ। ପତଳା ହେବା ପାଇଁ ଖାଦ୍ୟ ନିୟନ୍ତ୍ରଣ ଅତ୍ୟନ୍ତ ଜରୁରୀ। ତେଣୁ ଏହି ବ୍ୟକ୍ତି ଭୋକରେ ନ ରହି କମ୍ କ୍ୟାଲୋରିଯୁକ୍ତ ଖାଦ୍ୟ ତାଲିକା ଅନୁଯାୟୀ ଗ୍ରହଣ କରିବେ।

**ପ୍ରାତଃ(ସକାଳ ୬ଘ.ରେ):** ଚା', କଫି ବା କ୍ଷୀର ୧ କପ୍ ସହ ୨/୩ ଖଣ୍ଡ ବିସ୍କୁଟ୍, ମଧୁମେହ ଥିଲେ ବିନା ଚିନି ଖାଇବେ।

**ସକାଳ ଜଳଖିଆ(ଘ.୮.୩୦ ମି.ରେ):** ରୁଟି ୨/୩ ଖଣ୍ଡ ସହ ପରିବା ତରକାରି ୧ ଗିନା, ଇଡ୍‌ଲି ୪ଟି/ଉପମା ୧ କପ୍ ସହ ସମ୍ବର ୧ ଗିନା, କର୍ନଫ୍ଲେକ୍ସ ୫୦ ଗ୍ରାମ୍ ବା ସାଦା ପିଆଜରେ ଦୋଷା ୨ଟା ସହ ସନ୍ତୁଳା ୧ ଗିନା।

**ଦିବା(ଘ.୧୧ ରୁ ୧୧.୩୦ମି. ମଧ୍ୟରେ) :** ପରିବା ସୁପ୍ ୧ ଗିନା, ଛେନା ୩୦ ଗ୍ରାମ୍, ଫଳ ମଧ୍ୟରେ ସେଓ/କମଳା ୧୦୦ ଗ୍ରାମ୍, ପିଜୁଳି ୧ଟା, ଘୋଳଦହି ବା ପଇଡ଼ପାଣି।

**ମଧ୍ୟାହ୍ନ ଭୋଜନ (ଦ୍ୱିପ୍ରହର ଘ.୧.୩୦ମି.):** ଉଷୁନା ଭାତ(୨ଗିନା–୧୦୦ଗ୍ରାମ୍), ରୁଟି ୨ଟା, ପତଳା ଡାଲି ୧ ଗିନା, ପରିବା ତରକାରି ୧ ଗିନା, ଶାଗ ୧ ପ୍ଲେଟ୍, ସାଲାଡ୍ ୧ ପ୍ଲେଟ୍, ଦହି ୧ଗିନା(ମାଛ ୨ଟା/ଅଣ୍ଡା ବିନା କେଶର ୨/ଚିକେନ୍ ୨ /ପନିର ୩୦ଗ୍ରାମ୍ ସପ୍ତାହକୁ ୨ ଥର)।

**ଅପରାହ୍ନ (ଘ.୫.୩୦ ମି. ରୁ ୬.୦୦ ଘ. ମଧ୍ୟରେ):** ଚା' ୧ କପ୍ ସହ ବିସ୍କୁଟ (୨–୩),ଚୁଡ଼ା ସନ୍ତୁଳା(୧ ଗିନା)/ଚୁଡ଼ା ଭଜା/ଗଜାମୁଗ(୧ ଗିନା), ହୁଡୁମ ୧ ଗିନା, ଖଇ ୧ ଗିନା, ସିଝା ବୁଟ(୧ ଗିନା)।

**ରାତ୍ରିଭୋଜନ(ଘ.୯.୩୦ମି.):** ରୁଟି ୩ଟା ସହ ପତଳା ଡାଲି ୧ ଗିନା/ ଡାଲମା ୧ ଗିନା, ପରିବା ତରକାରି(୧ ଗିନା), ସାଲାଡ୍ (୧ ପ୍ଲେଟ୍)।

**ରାତ୍ରିଭୋଜନ ଖାଇବା ପରେ:** ୧କପ୍(୧୫୦ମି.ଲି.) ବିନା ସର କ୍ଷୀର ପିଇ ଶୋଇବାକୁ ଯିବେ।

ପ୍ରତି ମିଲ୍ ଓ ଜଳଖିଆ ଅଢ଼େଇରୁ ତିନିଘଣ୍ଟା ବ୍ୟବଧାନରେ ଗ୍ରହଣ କରିବେ।

**ଖାଇବେ ନାହିଁ:** ମଧୁମେହ ରୋଗୀ ମିଠା, ଚିନି, ଗୁଡ଼, ଜାମ୍, ଜେଲି, ଚକୋଲେଟ୍, ମୃଦୁପାନୀୟ, ଥଣ୍ଡାପାନୀୟ, ଆମ୍ବ, ପଣସ, ଆତ, ଲିଚୁ, ସପେଟା, କଦଳୀ, ଅଙ୍ଗୁର, ଫଳରସ, ଆଇସ୍‌କ୍ରିମ୍, ଖଜୁରି, ବାଦାମ, ନଡ଼ିଆ, ଆଳୁ, ମାଟିଆଳୁ, ଖମ୍ବଆଳୁ, ସାରୁ ଏବଂ କନ୍ଦମୂଳ ଖାଇବେ ନାହିଁ।

**ଉଚ୍ଚ ରକ୍ତଚାପ ରୋଗୀ:** ଅଧିକ ଲୁଣ, ତେଲ, ଚର୍ବି ଜାତୀୟ ଖାଦ୍ୟ ସେବନରୁ ବିରତ ହେବେ।

**ବୃକ୍କ ରୋଗୀ:** ଅତ୍ୟଧିକ ଲୁଣ, ଚଟଣି, ପାମ୍ପଡ଼, ଆଚାର, ସାମୁଦ୍ରିକ ମାଛ, କଙ୍କଡ଼ା, ରେଡ୍ ମିଟ୍, ଚିଙ୍ଗୁଡ଼ି, ଅଣ୍ଡା କେଶର, ଫାଷ୍ଟଫୁଡ୍, ଲୁଣ, ବଟର, ଘିଅ, ଡାଲ୍‌ଡା, ମିକ୍ସଚର, ଚିପ୍‌ସ, ମୁଢ଼ି, ଲୁଣ ମିଶା ବାଦାମ, ମଟର, ପଇଡ଼ପାଣି, ଲେମ୍ବୁ କମଳା, ପେନ୍ କିଲର ବଟିକା, ନଡ଼ିଆ ତିଆରି ଜିନିଷ, ବୁଟ, ରାଜ୍‌ମା ଇତ୍ୟାଦି ଶସ୍ୟଜାତୀୟ ଖାଦ୍ୟ ବର୍ଜନୀୟ।

**ହୃଦ୍‌ରୋଗୀ:** ତେଲ, ଚର୍ବି ଜାତୀୟ ଖାଦ୍ୟ, ରେଡ୍‌ମିଟ୍, ଫାଷ୍ଟଫୁଡ୍, ଆମିଷ, କ୍ଷୀର ଜାତୀୟ ଖାଦ୍ୟ, ମିଠା ଇତ୍ୟାଦି ଖାଇବେ ନାହିଁ।



**ବି.ଦ୍ର. :** ଏହି ତିନି ପ୍ରକାର ରୋଗୀ ପ୍ରତିଦିନ ୨୦ ମି.ଲି.ରୁ କମ୍ ତେଲରେ ପ୍ରସ୍ତୁତ ହୋଇଥିବା ଖାଦ୍ୟ ଖାଇବା ଉଚିତ୍। ପ୍ରାତଃ (ଘ.୬.୩୦ମି. ଭିତରେ)ସୂର୍ଯ୍ୟସ୍ନାନ ଓ ଖୋଲା ବାୟୁରେ ଭ୍ରମଣ ସ୍ୱାସ୍ଥ୍ୟ ପକ୍ଷେ ହିତକର।

*–ଆନନ୍ଦ ବଜାର, ବେତନଟୀ, ମୟୂରଭଞ୍ଜ*

*ମୋ: ୯୮୬୧୩୭୪୩୮୫*

## ଅବସାଦ ହୋଇପାରେ କ୍ୟାନ୍‌ସରର କାରଣ



ଆଜିକାଲି ଅବସାଦଗ୍ରସ୍ତ ହେବା କିଛି ନୂଆ କଥା ନୁହେଁ। ଏହାଦ୍ୱାରା ମାନସିକତା ପ୍ରଭାବିତ ହୋଇଥାଏ। ହେଲେ ଦୀର୍ଘଦିନ ଧରି ଏପରି ସ୍ୱାସ୍ଥ୍ୟ ସମସ୍ୟା ଲାଗି ରହିଲେ ତାହା ଆଉ ଏକ ଗୁରୁତର ରୋଗକୁ ଡାକିଆଣିବାର ଯଥେଷ୍ଟ ଆଶଙ୍କା ରହିଛି। ତାହା ହେଲା କ୍ୟାନ୍‌ସର। 'ଅବସାଦ ଓ କ୍ୟାନ୍‌ସର' ଶୀର୍ଷକ ବିଷୟବସ୍ତୁକୁ ନେଇ କାଲିଫର୍ନିଆ ବିଶ୍ୱବିଦ୍ୟାଳୟର କ୍ୟାନ୍‌ସର ବିଜ୍ଞାନୀମାନେ ଏକ ସର୍ଭେ କରିଥିଲେ। ଅଧିକାଂଶ ସମୟ ଅବସାଦଗ୍ରସ୍ତ ରହୁଥିବା କେତେଜଣ ବ୍ୟକ୍ତିଙ୍କ ସ୍ୱାସ୍ଥ୍ୟ କିପରି ରହୁଛି ତାହାକୁ ତନ୍ନ ତନ୍ନ କରି ସେମାନେ ପରୀକ୍ଷା କରିଥିଲେ। ଆଶ୍ଚର୍ଯ୍ୟଜନକ ଭାବରେ ସେମାନଙ୍କ ମଧ୍ୟରୁ ୧୫ପ୍ରତିଶତ ବ୍ୟକ୍ତିଙ୍କଠାରେ କ୍ୟାନ୍‌ସରର ଲକ୍ଷଣ ଦେଖିବାକୁ ମିଳିଥିଲା ବୋଲି ସେମାନେ ପ୍ରକାଶିତ ରିପୋର୍ଟରେ ଉଲ୍ଲେଖ କରିଛନ୍ତି। ଜଣେ ବ୍ୟକ୍ତି ଯଦି ଦୀର୍ଘଦିନ ଧରି ଅବସାଦଗ୍ରସ୍ତ ହୋଇ ରହନ୍ତି ତେବେ ଏହାଦ୍ୱାରା ତାଙ୍କର କୋଷ (ସେଲ୍) ପ୍ରଭାବିତ ହୋଇଥାଏ। ଏପରି କି ଏହାଦ୍ୱାରା କ୍ୟାନ୍‌ସର ପରି ଗୁରୁତର ରୋଗର ଆଶଙ୍କାକୁ ଏଡ଼ାଇ ଦିଆଯାଇ ନ ପାରେ ବୋଲି ସେମାନେ ମତବ୍ୟକ୍ତ କରିଛନ୍ତି।

## ସ୍ୱାସ୍ଥ୍ୟ ସୂଚନା

❖କେତେକେ ଏକାଥରେ ପୁଳାଏ ଖାଦ୍ୟ ଖାଆନ୍ତି। ପୁଣି ମନଲୋଭା ଖାଦ୍ୟ ଦେଖିଲେ ଆବଶ୍ୟକତାଠାରୁ ଅଧିକ ଖାଇଦିଅନ୍ତି। ଫଳରେ ଅଜୀର୍ଣ୍ଣ ସମସ୍ୟା ସୃଷ୍ଟି ହୋଇଥାଏ। ତେଣୁ ସବୁବେଳେ ଖାଉଥିବା ଖାଦ୍ୟର ପରିମାଣ ପ୍ରତି ଧ୍ୟାନ ଦିଅନ୍ତୁ। ରାତିରେ ହାଲ୍‌କା ତଥା ସୁପାଚ୍ୟ ଖାଦ୍ୟ ଖାଆନ୍ତୁ।

❖ପ୍ରତିଦିନ କିଛି ସମୟ ଯୋଗ କରନ୍ତୁ। ଏହା ଆପଣଙ୍କୁ ଅନେକାଂଶରେ ମାନସିକ ଶାନ୍ତି ଦେଇଥାଏ।




❖ସକାଳୁ ଉଠି ଦାନ୍ତ ନ ଘଷି ଦୁଇ ଗ୍ଲାସ୍ ପାଣି ପିଅନ୍ତୁ। ଏହାଦ୍ୱାରା ପାଚନଶକ୍ତି ଆହୁରି ଦୃଢ଼ ହୋଇଥାଏ।

❖କେତେକ ରୋଗର ଘରୋଇ ଉପଚାର ରହିଛି। ଏହାକୁ ଆପଣେଇପାରନ୍ତି। ହେଲେ ତା'ପୂର୍ବରୁ ସେ ବିଷୟରେ ଭଲ ଭାବରେ ଅବଗତହେବା ଦରକାର।

❖ଡାକ୍ତରଙ୍କ ସହ କୌଣସି ରୋଗ ବିଷୟରେ ପରାମର୍ଶ କରିବା ବେଳେ ସେ କେତେକ ପ୍ୟାଥୋଲୋଜି ଟେଷ୍ଟ କରିବାକୁ ଲେଖିଥାଆନ୍ତି। କେତେକେ ସେଗୁଡ଼ିକ ମଧ୍ୟରୁ କିଛି ପରୀକ୍ଷାକୁ ଏଡ଼ାଇଯାଇଥାଆନ୍ତି। ହେଲେ ସେହିସବୁ ଟେଷ୍ଟର ଗୁରୁତ୍ୱକୁ ଉପଲବ୍ଧିକରି ପରୀକ୍ଷା କରାଇନେବା ଭଲ।

# ଟାଇପ–୨ ଡାଇବେଟିସ ରୋଗୀଙ୍କ ସଂଖ୍ୟା ବଢ଼ୁଛି

ବର୍ତ୍ତମାନ ଟାଇପ–୨ ଡାଇବେଟିସ ରୋଗୀଙ୍କ ସଂଖ୍ୟା ବଢ଼ୁଛି ବୋଲି ଏକ ସର୍ଭେରୁ ଜଣାପଡ଼ିଛି। ଜଣାପଡ଼ିଛି ଯେ, ଏବେ ସମଗ୍ର ବିଶ୍ୱରେ ଡାଇବେଟିସ ରୋଗୀଙ୍କ ସଂଖ୍ୟା ପ୍ରାୟ ୪୨୫ ମିଲିୟନ। ଏହି ରୋଗ ନିଜର କାୟା ଏପରି ବିସ୍ତାର କରିସାରିଲାଣି ଯେ ପ୍ରତି ଦୁଇଜଣରେ ଜଣେ ଡାଇବେଟିସ ରୋଗୀ ବୋଲି ପ୍ରକାଶିତ ରିପୋର୍ଟରେ ଉଲ୍ଲେଖ କରାଯାଇଛି। ତେଣୁ ଏହି ରୋଗୀଙ୍କ ବର୍ଦ୍ଧିତ ସଂଖ୍ୟା କମାଇବାକୁ ସମସ୍ତେ ସଚେତନ ରହିବା ଦରକାର। ରୋଗର କାରଣ ସମ୍ପର୍କରେ ଭଲ ଭାବରେ ଅବଗତ ହେବା, ଏହାଦ୍ୱାରା ଆକ୍ରାନ୍ତ ହେବା ପରେ ଡାକ୍ତରଙ୍କ ସହ ପରାମର୍ଶ କରି ଔଷଧ ଖାଇବା ଆବଶ୍ୟକ। ସାଧାରଣତଃ ରକ୍ତରେ ସୁଗାର ପରିମାଣ ବଢ଼ିଗଲେ ତାହା ଡାଇବେଟିସ୍‌ର କାରଣ ସାଜିଥାଏ। ତେଣୁ ନିୟମିତ ସମୟ ଅନ୍ତରାଳରେ ରକ୍ତ ପରୀକ୍ଷା କରାଇ ସେଥିରେ ସୁଗାର ପରିମାଣ କେତେ ଅଛି ତାହା ଜାଣିନିଅନ୍ତୁ। ଯଦି ଆପଣ ଡାଇବେଟିସ୍ ଦ୍ୱାରା ଆକ୍ରାନ୍ତ ତେବେ ନିଜର ଖାଦ୍ୟପେୟ ପ୍ରତି ଧ୍ୟାନ ଦିଅନ୍ତୁ। କେଉଁ ଖାଦ୍ୟ ଖାଇବା ଅନୁଚିତ ଏବଂ କ'ଣ ଖାଇବା ଦରକାର ତାହା ଡାକ୍ତରଙ୍କ ନିକଟରୁ ଭଲ ଭାବରେ ବୁଝି ନିଅନ୍ତୁ। ଡାଇବେଟିସ ରୋଗୀ ରକ୍ତରେ ସୁଗାର ପରୀକ୍ଷା କରିବା ସହ ବ୍ଲଡ୍‌ପ୍ରେସର ଚେକ୍ କରିନେବା ଆବଶ୍ୟକ। ଏହାଦ୍ୱାରା ଆକ୍ରାନ୍ତ ହୋଇଥିଲେ ନିଜକୁ ଯେତେ ସମ୍ଭବ ଟେନ୍‌ସନଠାରୁ ଦୂରେଇ ରଖନ୍ତୁ। ଡାଇବେଟିସ୍‌କୁ ନେଇ ଅନେକ ଲୋକ ଅନେକ କଥା କହିଥାଆନ୍ତି। ହେଲେ ଆପଣ ଡାକ୍ତରଙ୍କ ପରାମର୍ଶକୁ ହିଁ ଅନୁସରଣ କରନ୍ତୁ। କେତେକେ ଡାଇବେଟିସ୍‌କୁ ନେଇ ବ୍ୟସ୍ତ ହୋଇପଡ଼ନ୍ତି। ହେଲେ ଯଦି ଆପଣ ନିଜର ଜୀବନଶୈଳୀ, ଖାଦ୍ୟପେୟ ପ୍ରତି ଧ୍ୟାନଦେବା ସହ ନିୟମିତ ସମୟ ବ୍ୟବଧାନରେ ଡାକ୍ତରଙ୍କ ସହ ପରାମର୍ଶ କରନ୍ତି ତେବେ ଆପଣ ସୁସ୍ଥ ରହିପାରିବେ। ଡାଇବେଟିସ୍ ରୋଗୀ କେବଳ ଖାଦ୍ୟ ନିୟନ୍ତ୍ରଣ ନୁହେଁ, ଦୈନନ୍ଦିନ ଜୀବନତାଲିକାରେ ବ୍ୟାୟାମକୁ ସାମିଲ କରନ୍ତୁ। ପ୍ରତିଦିନ ସକାଳୁ ଅତିକମ୍‌ରେ ଅଧ ଘଣ୍ଟାଏ ଚାଲନ୍ତୁ।




# ମହୁ

ଡା. ରୀତା ସାହୁ

**"ଆମ୍ଭମାନଙ୍କୁ ମନେ ରଖିବାକୁ ପଡ଼ିବ ଯେ, ଦୈନିକ ୨୦ ଗ୍ରାମରୁ ଅଧିକ ମହୁ ଖାଇବା ଉଚିତ ନୁହେଁ। ପ୍ରତ୍ୟେକ ଦିନ ମହୁ ଖାଇବା ସ୍ୱାସ୍ଥ୍ୟ ପାଇଁ ହିତକର। ଗ୍ରୀଷ୍ମ ଋତୁରେ ମହୁ ସେବନ ବର୍ଜନ ଅଟେ। କିନ୍ତୁ ଶୀତ ଦିନରେ ଏହା ଅତ୍ୟନ୍ତ ହିତକାରୀ। ମହୁ ଗରମ କରି ଖାଇଲେ ଏହା ବିଷ ତୁଲ୍ୟ ଶରୀରରେ କାମ କରେ।"**



ବହୁ ପୂର୍ବରୁ ବଗିଚା କରିବା, ମହୁମାଛି ପାଳନ ଏବଂ ଶତକଡ଼ା ଶହେ ଭାଗ ଲୋକ ଦୈନିକ ମହୁ ଖାଇବା କଥା ମଧ୍ୟ ବର୍ଣ୍ଣନା ରହିଛି। ମୁନି ଋଷିମାନେ ମହୁ ସର୍ବଶ୍ରେଷ୍ଠ ସଞ୍ଜୀବନୀ, ଶ୍ରମନାଶକ, ବଳ ବର୍ଦ୍ଧକ, ବୀର୍ଯ୍ୟବର୍ଦ୍ଧକ ଓ କାନ୍ତିଜନକ ବୋଲି କହି ଯାଇଛନ୍ତି। ଏହି ସମ୍ବନ୍ଧୀୟ ଗବେଷଣା ଜାରି ରହିଛି। ନ୍ୟୁଜିଲାଣ୍ଡରେ ଗବେଷଣା କରାଯାଇ ବୈଜ୍ଞାନିକମାନେ ମତ ଦେଇଛନ୍ତି କି ମହୁରେ ଏପରି ଶକ୍ତି ଅଛି ଯାହା ଜୀବାଣୁ, ଭୂତାଣୁ ଓ ବାହ୍ୟ ସଂକ୍ରମଣକୁ ଅକାମୀ କରି ପାରିଥାଏ। ଏକଥା ମଧ୍ୟ ଜଣାପଡିଥିଲା କି ଆଣ୍ଟିବାୟୋଟିକ୍ ଔଷଧ ଯାହାକୁ ନଷ୍ଟ କରି ପାରୁନାହିଁ ତାହାକୁ ମହୁ ନଷ୍ଟ କରିବାରେ ସକ୍ଷମ ଅଟେ। ଏହାର ସଂରଚନା ମଣିଷ ଶରୀରରେ ସୁରକ୍ଷା କବଚ ସଦୃଶ କାମ କରିଥାଏ। ଆମେରିକାର ଅନୁସନ୍ଧାନ କର୍ତ୍ତାମାନେ ଅଧ୍ୟୟନ ପରେ ଜଣାଇଛନ୍ତି ଯେ ମହୁରେ ଆଣ୍ଟିବାୟୋଟିକ୍ ତତ୍ତ୍ୱ ଭରପୂର ମାତ୍ରାରେ ରହିଥିବାରୁ ଏହା ପୁରାତନ ଘା' ଶୁଖାଇବା ସହ ସଂକ୍ରମଣକୁ ରୋକିବାରେ ପୂର୍ଣ୍ଣ ସକ୍ଷମ ଅଟେ। ଇସ୍ରାଏଲରେ ପେଟରେ ହେଉଥିବା ଅଲସର ରୋଗର ଚିକିତ୍ସା ପାଇଁ ମହୁ ପ୍ରୟୋଗ କରାଯାଉଛି। ଏହି ରୋଗାଣୁମାନଙ୍କୁ ନିର୍ଜୀବ କରିବା ଓ ତା' ସହିତ ଲଢିବାର କାରିଗର ଅଟେ ମହୁ। ଆମେରିକାର ଇଲିନାଇସ୍ ବିଶ୍ୱବିଦ୍ୟାଳୟରେ କରାଯାଇଥିବା ଅଧ୍ୟୟନରୁ ଜଣାପଡିଛି ଯେ ମହୁ କ୍ୟାନସର, ହୃଦ୍‌ରୋଗ ପରି ଅସାଧ୍ୟ ରୋଗକୁ ନିୟନ୍ତ୍ରଣ କରିବାରେ ସକ୍ଷମ ହୁଏ। ଆମେରିକାର ୟୁନିଭରସିଟି ଅଫ୍ ମେମ୍ଫିସ୍‌ର ଅଧ୍ୟୟନ କର୍ତ୍ତାମାନେ ଗବେଷଣା କରି ଏହି ସିଦ୍ଧାନ୍ତରେ ଉପନୀତ ଯେ ଦୈନିକ ୩ ଚାମଚ ମହୁ ୩ ଥରରେ ସେବନ କଲେ ଏଥିରୁ ଏତେ ଉର୍ଜା ମିଳେ ଯାହା ଏ ପର୍ଯ୍ୟନ୍ତ ଅନ୍ୟ କୌଣସି ପଦାର୍ଥରୁ ମିଳିଥାଏ ବୋଲି ଜଣାପଡିନାହିଁ। ଏକ ଅଧ୍ୟୟନରୁ ଜଣାପଡିଛି ଯେ, ଦୁଇ ଚାମଚ ମହୁ ଖାଇବାର ଦଶ ମିନିଟ୍ ପରେ ଯେଉଁ ଉର୍ଜା ମିଳେ ତାହା କୌଣସି carbohydrate drinks, pre exercise drinks/ energized drinks/sports drinks ରୁ ମିଳିନଥାଏ। ଅନ୍ୟପକ୍ଷରେ ୧ ଲିଟର ଉପରୋକ୍ତ ପାନୀୟରୁ ଯାହା ମିଳିଥାଏ ତାହା ମାତ୍ର ଦୁଇ ଚାମଚ ମହୁ ଯୋଗାଇବାକୁ ସମର୍ଥ ହୋଇଥାଏ।

ଆମ୍ଭମାନଙ୍କୁ ମାନି ନେବାକୁ ପଡ଼ିବ ଯେ ମହୁ ବାସ୍ତବରେ ମହୁମାଛିମାନଙ୍କର ଅତ୍ୟଧିକ ପରିଶ୍ରମର ସଂଗ୍ରହ ଅଟେ। ଏହି ପ୍ରାକୃତିକ ପ୍ରକ୍ରିୟା ତାହାକୁ ବଳଶାଳୀ କରିଥାଏ। ମହୁମାଛି ବହୁ ହୁସିଆରରେ ପରାଗ ସଂଗ୍ରହ କରିଥାଏ। ସକାଳ ସମୟରେ ବାସ୍ନାରୁ ସେ ଚୟନ କରିଥାଏ କେଉଁ ଫୁଲରୁ ପରାଗ ସୃଷ୍ଟି କରିବ ଅଧିକ ରସ। ସକାଳ ସମୟରେ ଅଧିକ ରସ ସଂଗ୍ରହ କରାଯାଇପାରେ। ଜର୍ମାନୀର ବୈଜ୍ଞାନିକମାନେ କହନ୍ତି ଭାରତୀୟ ମହୁ ସବୁଠାରୁ ଉତ୍କୃଷ୍ଟ, କାରଣ ପ୍ରାକୃତିକ ଜଳବାୟୁ ଓ ବାତାବରଣରୁ ଏହାକୁ ସଂଗ୍ରହ କରାଯାଇଥାଏ।

ଆମ୍ଭମାନଙ୍କୁ ମନେ ରଖିବାକୁ ପଡିବ ଯେ, ୨୦ ଗ୍ରାମରୁ ଅଧିକ ମହୁ ଖାଇବା ଉଚିତ ନୁହେଁ। ପ୍ରତ୍ୟେକ ଦିନ ମହୁ ଖାଇବା ସ୍ୱାସ୍ଥ୍ୟ ପାଇଁ ହିତକର। ଗ୍ରୀଷ୍ମ ଋତୁରେ ମହୁ ସେବନ ବର୍ଜନ ଅଟେ। କିନ୍ତୁ ଶୀତ ଦିନରେ ଏହା ଅତ୍ୟନ୍ତ ହିତକାରୀ। ମହୁ ଗରମ କରି ଖାଇଲେ ଏହା ବିଷ ତୁଲ୍ୟ ଶରୀରରେ କାମ କରେ।

**ମହୁର ଔଷଧୀୟ ଗୁଣ**

– କାଶ ହେଉଥିଲେ, କାଶରେ କଫ ପଡୁଥିଲେ, କାଶରେ ରକ୍ତ ପଡୁଥିଲେ ୧ ଚାମଚ ଲେଖାଏ ମହୁ ଦିନକୁ ୩ ଥର ଖାଇଲେ ଅଧିକ ଲାଭପ୍ରଦ ଅଟେ।

–୧୦ ଗ୍ରାମ ମହୁ, ୧୦ ଗ୍ରାମ ଲେମ୍ବୁପତ୍ର ସ୍ୱରସ ସକାଳେ ସନ୍ଧ୍ୟାରେ ଦିନକୁ ଦୁଇଥର ୨୧ ଦିନ ପର୍ଯ୍ୟନ୍ତ ଖାଇଲେ ବାହ୍ୟ ସଂକ୍ରମଣ ଶରୀର ମଧ୍ୟରେ ଥିଲେ ସେମାନଙ୍କୁ ଏହା ନଷ୍ଟ କରି ପାରିଥାଏ।

– ଝାଡ଼ା ଲାଗି ରହିଥାଏ ଏବଂ ଯେତେ ଔଷଧ ନେଲେ କମୁ ନ ଥାଏ ତେବେ ସେପରି ସମୟରେ ଏକ କପ୍ ଡାଳିମ୍ବରସ, ଏକ ଚାମଚ ମହୁ, ଲବଙ୍ଗ, ଶୁଣ୍ଠି, ଜାଇଫଳ ଚୂର୍ଣ୍ଣ ଏକ ଚାମଚ ମିଶାଇ ଖାଇଲେ ଆରାମ ମିଳିଥାଏ।

–ଜିରାକୁ ଭାଜି ଗୁଣ୍ଡ କରି ସେଥିରେ ଚାରି ଭାଗରୁ ଏକ ଭାଗ ମହୁ ମିଶାଇ ଚାଟି ଚାଟି ଖାଇଲେ ପତଳା ଝାଡ଼ାରୁ ଉପଶମ ମିଳିଥାଏ।

–ଅଦାରସ ୬ ଗ୍ରାମ, ମହୁ ୬ ଗ୍ରାମ ମିଶାଇ ଖାଇଲେ ଅରୁଚି ନଷ୍ଟ ହୁଏ। ଏତଦ୍ ଜନିତ ରୋଗ ପ୍ରତିରୋଧ ଶକ୍ତି ନଷ୍ଟ ହେଲେ ସେଥିରୁ ମୁକ୍ତି ମିଳିଥାଏ।

–କାଶ ଦୀର୍ଘ ଦିନ ଧରି ଲାଗି ରହୁଥିଲେ ଲବଙ୍ଗ ଭାଜି ଗୁଣ୍ଡ କରି ସେଥିରେ ମହୁ ମିଶାଇ ଚାଟି ଚାଟି ଖାଇଲେ ଆରାମ ମିଳେ।

–ଶ୍ୱେତପ୍ରଦର ରୋଗରେ ଗୁଡୁଚି ସ୍ୱରସ ଓ ମହୁ ସମାନ ପରିମାଣରେ ମିଶାଇ ଦିନକୁ ୨ ଥର ଖାଇଲେ ଏହି ରୋଗ ଛାଡ଼ିଯାଇଥାଏ।

–ଅଁଳା ଚୂର୍ଣ୍ଣ ଗୋଟେ ଚାମଚରେ ଏକ ଭାଗରୁ ଭାଗେ ମହୁ ମିଶାଇ ୩ଥର ଖାଇଲେ ଶ୍ୱେତପ୍ରଦର ରୋଗରୁ ମୁକ୍ତି ମିଳିଥାଏ।

– ଯୌନ ସମସ୍ୟା ଥିଲେ ୧ ଚାମଚ ଆମଳକୀ ରସାୟନ, ୧ ଚାମଚ ମିଶ୍ରି, ୧ ଚାମଚ ମହୁ ମିଶାଇ ଖାଇଲେ ଲାଭପ୍ରଦ ହୁଏ।

– ମହୁ ଓ ଅଁଳା ଚୂର୍ଣ୍ଣ/ଅଁଳା ସ୍ୱରସ ମିଶାଇ ଖାଇଲେ ଶରୀରରେ ସମସ୍ତ ପ୍ରକାର ବିଷ ପ୍ରକ୍ରିୟାରୁ ଶରୀରକୁ ମୁକ୍ତି ମିଳିଥାଏ।

–ଓଜନ ହ୍ରାସ ହେଲେ ରାତ୍ରିରେ ଶୋଇବା ସମୟରେ ଥଣ୍ଡା କ୍ଷୀରରେ ମହୁ ମିଶାଇ ୩ ମାସ ପିଇଲେ ଓଜନ ବଢ଼ିଯାଏ ଏବଂ ମାଂସପେଶୀମାନେ ସବଳ ହୋଇଥାନ୍ତି।

–ପ୍ରତ୍ୟେକ ଅସୁସ୍ଥ ବ୍ୟକ୍ତି ରାତିରେ ଶୋଇବା ସମୟରେ ୧ ଚାମଚ ଅଁଳା ଚୂର୍ଣ୍ଣ ଓ ମହୁ ମିଶାଇ ଖାଇଲେ ନୀରୋଗ ହୋଇଥାନ୍ତି।

–ତାଜା ଅଁଳା ରସ ୨ ଚାମଚ ଓ ମହୁ ୨ ଚାମଚ ପ୍ରତିଦିନ ସକାଳେ ଖାଇଲେ ସୁସ୍ଥ ଓ ଯୁବା ଦେଖାଯାଆନ୍ତି। ଦୈନନ୍ଦିନ ଏହାକୁ ଖାଇଲେ ରୋଗ ପ୍ରତିରୋଧ ଶକ୍ତି ବଢି



ଶରୀରକୁ ନୀରୋଗ ରଖିଥାଏ।

– ଅଁଳା ରସ ଓ ମହୁ ଖାଇଲେ ରକ୍ତ ଧମନୀ ପରିଷ୍କାର ରହେ ଓ ଉଚ୍ଚ ରକ୍ତ ଚାପରୁ ମୁକ୍ତି ମିଳେ।

– ଏକ ଚାମଚ ପିଆଜ ରସ ଓ ୧ ଚାମଚ ମହୁ ସହିତ ମିଶାଇ ଖାଇଲେ ପୌରୁଷତ୍ୱ ବଢ଼ିଥାଏ ଓ ନପୁଂସକତା ଦୂର ହୋଇଥାଏ।

– ଏକ ଚାମଚ ରସୁଣ ରସ ଓ ୧ ଚାମଚ ମହୁ ସହିତ ମିଶାଇ ଖାଇଲେ ମୋଟା ହୋଇଥିଲେ ମୋଟାପା କମ୍ କରିଥାଏ।

ଏତେ ସବୁ ଆଲୋଚନା କରିବାର ଉଦ୍ଦେଶ୍ୟ ମହୁ ରୋଗ ପ୍ରତିରୋଧ ଶକ୍ତି ବଢାଇଥାଏ। ରୋଗ ପ୍ରତିରୋଧ ଶକ୍ତି କ୍ଷୟ ହୋଇଯାଉଥିବା ବ୍ୟକ୍ତିମାନେ ଦୈନିକ ମହୁ ସେବନ କଲେ ରୋଗର ସ୍ଥାୟୀ ପ୍ରତିକାର କରିପାରନ୍ତେ। ଏହାବ୍ୟତୀତ ଆଧୁନିକ ଔଷଧ ସେବନର ପାର୍ଶ୍ୱପ୍ରତିକ୍ରିୟାରୁ ମହୁ ଶରୀରକୁ ସୁରକ୍ଷା ଦେଇଥାଏ।

*–ଫ୍ଲାଟ୍ ନମ୍ବର–୧୧୭*

*ମହାନଦୀ ବିହାର, କଟକ–୪*

*ମୋ: ୯୪୩୭୨୭୨୬୬୩*



> ଜୁଲାଇ ସୁଦ୍ଧା ପର୍ସ ନୂଆ ଜେନେରେଶନର ଏସ୍‌ୟୁଭି ମାକାନ ଭାରତରେ ଲଞ୍ଚ କରିବ । ଏହା ଦୁଇ ଭାରିଆଣ୍ଟରେ ଦେଶରେ ପ୍ରବେଶ କରିବ ।
> – ପଓ୍ବନ ସେଟ୍ଟୀ, ଡାଇରେକ୍ଟର, ପର୍ସ ଇଣ୍ଡିଆ



> ଅଧିକ ଅଧିଗ୍ରହଣ ପାଇଁ ଟାଟା କନସଲଟାନ୍ସି ସର୍ଭିସେସ୍ ବ୍ୟଗ୍ର । ଅଭିବୃଦ୍ଧିକୁ ଦ୍ରୁତତର କରିବା ଲାଗି କମ୍ପାନୀ ପ୍ରୟାସ କରୁଛି ।
> – ଏନ.ଗଣପତି ସୁବ୍ରମଣ୍ୟମ, ସିଓଓ, ଟିସିଏସ୍

## ସଂକ୍ଷେପରେ

### ସରକାରଙ୍କ ସାମାଜିକ କାର୍ଯ୍ୟକ୍ରମକୁ ପାନଗାରିୟାଙ୍କ ପ୍ରଶଂସା



**ନୂଆଦିଲ୍ଲୀ,୧୪-୪:** ମୋଦି ସରକାରଙ୍କ ଆୟୁଷ୍ମାନ ଭାରତ, ପ୍ରଧାନମନ୍ତ୍ରୀ କିଷାନ ସମ୍ମାନ ଯୋଜନା ତଥା ଗ୍ରାମୀଣ ବିଦ୍ୟୁତୀକରଣ ଭଳି ସାମାଜିକ କ୍ଷେତ୍ରର କାର୍ଯ୍ୟକ୍ରମଗୁଡ଼ିକ ବଡ଼ ସଫଳତା ହାସଲ କରିଛି ବୋଲି ନୀତି ଆୟୋଗ ପୂର୍ବତନ ଉପାଧ୍ୟକ୍ଷ ଅରବିନ୍ଦ ପାନଗାରିୟା କହିଛନ୍ତି। ଦୁର୍ନୀତି ବିରୋଧରେ ଲଢ଼େଇ ଦିଗରେ କେନ୍ଦ୍ର ସରକାର ଉଲ୍ଲେଖନୀୟ ପ୍ରଗତି ହାସଲ କରିଛନ୍ତି ବୋଲି ସେ କହିଛନ୍ତି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ନେତୃତ୍ୱରେ ନିଆଯାଇଥିବା ସଂସ୍କାରମୂଳକ କାର୍ଯ୍ୟକ୍ରମଗୁଡ଼ିକ ସମ୍ପର୍କରେ ସେ କହିଛନ୍ତି ଯେ, ବସ୍ତୁ ଏବଂ ସେବା ଟିକସ (ଜିଏସ୍‌ଟି), ଦେବାଲିଆ ଆଇ ତଥା ପ୍ରତ୍ୟକ୍ଷ ଲାଭ ପ୍ରଦାନ(ଡିବିଟି) ଆଦି ୩ଟି ବଡ଼ ପଦକ୍ଷେପ। ଗଣମାଧ୍ୟମ ସହ ସାକ୍ଷାତ୍କାରରେ ସେ କହିଛନ୍ତି ଯେ, ସରକାର ସଡ଼କ, ରେଲୱେ, ଜଳମାର୍ଗ, ବେସାମରିକ ବିମାନ ଚଳାଚଳ ତଥା ଡିଜିଟାଲୀକରଣ କ୍ଷେତ୍ରରେ ଦ୍ରୁତଗତିରେ କାମ କରିଛି, ଯାହାର ଫଳାଫଳ ନଜରକୁ ଆସୁଛି। ଶହେରୁ ଅଧିକ ଅର୍ଥନୀତିଜ୍ଞ ଜିଡିପି ଡାଟାକୁ ନେଇ ଉଠାଉଥିବା ପ୍ରଶ୍ନ ଉପରେ ସେ କହିଛନ୍ତି ଯେ, ସମାଲୋଚକମାନେ ଯେପର୍ଯ୍ୟନ୍ତ କେନ୍ଦ୍ରୀୟ ପରିସଂଖ୍ୟାନ କାର୍ଯ୍ୟାଳୟ (ସିଏସ୍‌ଓ)/ପରିସଂଖ୍ୟାନ ଏବଂ କାର୍ଯ୍ୟକ୍ରମ କ୍ରିୟାନ୍ୱୟନ ମନ୍ତ୍ରଣାଳୟର କାର୍ଯ୍ୟଧାରାର ଯେଉଁ ଅଂଶ ନେଇ ସ୍ପଷ୍ଟ କରିନାହାନ୍ତି, ସେ ପର୍ଯ୍ୟନ୍ତ ସେମାନଙ୍କ ବୟାନ କେବଳ ଦାବି ଭାବେ ମନେକରାଯିବ। ସେ କହିଛନ୍ତି ଯେ, ଜିଡିପି ଡାଟା ଗଣନା ବେଳେ ସରକାର ଯେଉଁ ପଦ୍ଧାପଦ୍ଧତି ବ୍ୟବହାର କରିଛନ୍ତି, ସେସମ୍ପର୍କରେ ୪୦ ପୃଷ୍ଠାର ଏକ ଦସ୍ତାବିଜ ପ୍ରକାଶ କରିଛନ୍ତି। ବିଶ୍ୱ ବ୍ୟାଙ୍କ, ଅନ୍ତଃରାଷ୍ଟ୍ରୀୟ ମୁଦ୍ରା ପାଣ୍ଠି ଏବଂ ଜାତିସଂଘ ସମେତ କୌଣସି ଅନ୍ତଃରାଷ୍ଟ୍ରୀୟ ଏଜେନ୍ସି ଭାରତର ପରିସଂଖ୍ୟାନ ସଂସ୍ଥାର ବିଶ୍ୱଯୋଗ୍ୟତା ନେଇ ସନ୍ଦେହ କରିନାହାନ୍ତି ବୋଲି ପାନଗାରିୟା କହିଛନ୍ତି। ସେ ମଧ୍ୟ ଜିଡିପି ଡାଟା ପ୍ରସ୍ତୁତିରେ ସରକାରଙ୍କ ହସ୍ତକ୍ଷେପ ହୋଇଥିବା ଲକ୍ଷ୍ୟ କରିନାହାନ୍ତି ବୋଲି କଲମ୍ବିଆ ବିଶ୍ୱବିଦ୍ୟାଳୟ ପ୍ରଫେସର କହିଛନ୍ତି। ତାଙ୍କ ମତରେ ଜିଡିପି ଅନୁମାନ ନୂଆ ନୁହେଁ ଏହା ଏକ ସ୍ଥାପିତ ପ୍ରକ୍ରିୟା। ସୂଚନାଥାଉ କି, ଜିଡିପି ଡାଟାକୁ ନେଇ ନିକଟରେ ରିଜର୍ଭ ବ୍ୟାଙ୍କର ପୂର୍ବତନ ଗଭର୍ଣ୍ଣର ରଘୁରାମ ରାଜନ, ଆଇଏମ୍‌ଏଫର ମୁଖ୍ୟ ଅର୍ଥନୀତିଜ୍ଞ ଗୀତା ଗୋପୀନାଥ ଓ ୧୦୮ ଅର୍ଥନୀତିଜ୍ଞ ତଥା ସମାଜ ବିଜ୍ଞାନୀ ପ୍ରଶ୍ନ ଉଠାଇଥିଲେ।

### ରିଲାଏନ୍ସ ଜିଓ ଗ୍ରାହକ ସଂଖ୍ୟା ୩୦ କୋଟି ଟପିଲା

**ନୂଆଦିଲ୍ଲୀ,୧୪-୪:** ବିଶିଷ୍ଟ ବ୍ୟବସାୟୀ ମୁକେଶ ଅମ୍ବାନୀଙ୍କ ମାଲିକାନାରେ ଥିବା ଟେଲିକମ କମ୍ପାନୀ ରିଲାଏନ୍ସ ଜିଓ ଆରମ୍ଭ ହେବା ଦିନ ଠାରୁ ମାତ୍ର ଅଢ଼େଇ ବର୍ଷ ମଧ୍ୟରେ ୩୦ କୋଟି ଗ୍ରାହକ ସଂଖ୍ୟା ଅତିକ୍ରମ କରିବାରେ ସଫଳ ହୋଇଛି। ପ୍ରାପ୍ତ ସୂଚନାରୁ ଜଣାପଡିଛି ଯେ, କମ୍ପାନୀ ମାର୍ଚ୍ଚ ୨ରେ ଏହି ଉପଲବ୍ଧି ହାସଲ କରିଛି। ତେବେ ଜିଓ ପକ୍ଷରୁ ଏ ସମ୍ପର୍କରେ ଆନୁଷ୍ଠାନିକ ଭାବେ କିଛି ପ୍ରକାଶ କରାଯାଇ ନାହିଁ। ବର୍ତ୍ତମାନ ଇଣ୍ଡିଆନ ପ୍ରିମିୟର ଲିଗ୍(ଆଇପିଏଲ୍) ଟୁର୍ଣ୍ଣାମେଣ୍ଟ ଚାଲିଥିବା ବେଳେ କମ୍ପାନୀ ନିଜର ଉପଲବ୍ଧି ହାସଲ ନେଇ ଉତ୍ସବ ପାଳନ କରୁଥିବା ଏହାର ବିଜ୍ଞାପନରୁ ପ୍ରତୀୟମାନ ହେଉଛି। ଜିଓ ଆରମ୍ଭ ହେବା ଦିନଠାରୁ ସବୁଠାରୁ କମ୍ ସମୟ ମଧ୍ୟରେ ୧୦କୋଟି ଗ୍ରାହକ ହାସଲ କରିବାରେ ପ୍ରଥମ ଟେଲିକମ କମ୍ପାନୀ ହୋଇଛି। କମ୍ପାନୀ ମାତ୍ର ୧୭୦ ଦିନରେ ଏହି ସଫଳତା ହାସଲ କରିଥିଲା।

# ଜେଟ୍‌ର ଭାଗ୍ୟ ନିର୍ଦ୍ଧାରଣ ଆଜି

ନୂଆଦିଲ୍ଲୀ,୧୪–୪



ଜେଟ୍ ଏୟାରୱେଜ ପାଇଁ ସୋମବାର ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ଦିନ। କାରଣ ସଙ୍କଟଗ୍ରସ୍ତ ଏହି ଏୟାରଲାଇନ୍ସରେ ତାଲା ଝୁଲିବ ନା ଉଡ଼ାଣ ଜାରି ରହିବ ସେ ନେଇ ସୋମବାର ନିଷ୍ପତ୍ତି ନିଆଯିବ। କମ୍ପାନୀ ମ୍ୟାନେଜମେଣ୍ଟ ୧୫୦୦ କୋଟି ଟଙ୍କାର ନିବେଶ ଅପିଲ ଏବଂ ନୂଆ ଯୋଜନା ନେଇ ସୋମବାର ଋଣପ୍ରଦାନକାରୀଙ୍କ ସହ ବୈଠକରେ ବସିବେ। ଋଣପ୍ରଦାନକାରୀ ଜରୁରୀ ପାଣ୍ଠି ଦେବାକୁ ମନା କରିଦିଅନ୍ତି ଅଥବା ଏଥିରେ ବିଳମ୍ବ କରନ୍ତି, ଏହାର ଅର୍ଥ ହେବ ଜେଟ୍‌ରେ ତାଲା ଝୁଲିବ। ଏହାର ସମସ୍ତ ବିମାନ ଛିଡ଼ା ହୋଇଯିବ। ଏହାବ୍ୟତୀତ ଏହି ଦିନ ଜେଟ୍‌ର ପାଇଲଟ ଓ କର୍ମଚାରୀ କମ୍ପାନୀର ମୁମ୍ବାଇସ୍ଥିତ ମୁଖ୍ୟାଳୟରେ ଏକାଠି ହେବେ ଏବଂ ଭବିଷ୍ୟତକୁ ନେଇ ନିଷ୍ପତ୍ତି ନେବେ। ନ୍ୟାଶନାଲ ଏଭିଏଟର୍ସ ଗିଲ୍ଡ ଏହାର ସମସ୍ତ ପାଇଲଟଙ୍କୁ ସମ୍ପୂର୍ଣ୍ଣ ୟୁନିଫର୍ମରେ ସୋମବାର ସକାଳ ୧୦ଟାରେ ମୁଖ୍ୟାଳୟରେ ଉପସ୍ଥିତ ରହିବାକୁ ନିର୍ଦ୍ଦେଶ ଦେଇଛି। ଜେଟ ଏୟାରୱେଜର ଅଂଶଧନ କିଣିବା ଲାଗି କେତେଜଣ ଆଗ୍ରହ ଦେଖାଇଛନ୍ତି। ସେ ସମ୍ପର୍କରେ ସୋମବାର ଷ୍ଟେଟ ବ୍ୟାଙ୍କ ଅଫ୍ ଇଣ୍ଡିଆ ସୂଚନା ଦେବ। ଏହାପରେ ଏପ୍ରିଲ ୩୦ ଯାଏ ବିଡ୍ ଦାଖଲ କରାଯାଇପାରିବ। ତେବେ ସମ୍ପୂର୍ଣ୍ଣ ପ୍ରକ୍ରିୟା ଶେଷ ହେବାକୁ କିଛି ମାସ ଲାଗିଯିବ। ପ୍ରତିଶ୍ରୁତି ମୁତାବକ ୧୫୦୦ କୋଟି ଟଙ୍କାର ଜରୁରୀ ପାଣ୍ଠି ନ ଦେଲେ ଜେଟ୍‌ର ଅବସ୍ଥା ସାଂଘାତିକ ହେବ। ୨୬ ବର୍ଷ ପୁରୁଣା ଏହି ଏୟାରଲାଇନ୍ସ କମ୍ପାନୀ ବଞ୍ଚିବ ଅଥବା ବୁଡ଼ିଯିବ ସୋମବାର ନିର୍ଦ୍ଧାରିତ ହେବ।

## ବିମାନ ଉଡ଼ାଣ ନେଇ ହେବ ନିଷ୍ପତ୍ତି

ସଙ୍କଟ ଦେଇ ଗତି କରୁଥିବା ଜେଟ୍ ଏୟାରୱେଜର ପାଇଲଟମାନେ ସୋମବାରଠାରୁ ବିମାନ ନ ଉଡ଼ାଇବାକୁ ଚାହୁଁଛନ୍ତି। ପାଇଲଟଙ୍କୁ ପ୍ରତିନିଧିତ୍ୱ କରୁଥିବା ସଂଗଠନ ନ୍ୟାଶନାଲ ଏଭିଏଶନ ଗିଲ୍ଡ (ଏନ୍‌ଏଜି)ର ୧୧୦୦ ପାଇଲଟ ବେତନ ନ ମିଳିବା ଅଭିଯୋଗରେ ସୋମବାର ସକାଳ ୧୦ଟାରୁ ବିମାନ ଉଡ଼ାଇବା ବନ୍ଦ କରିବାକୁ ଚାହୁଁଛନ୍ତି। ତେବେ ଏନେଇ ସୋମବାର ନିଷ୍ପତ୍ତି ନିଆଯିବ। ଏଥିପାଇଁ ପାଇଲଟମାନେ ନିଜର ୟୁନିଫର୍ମରେ ବୈଠକରେ ଉପସ୍ଥିତ ରହିବାକୁ ଗିଲ୍ଡ ପକ୍ଷରୁ କୁହାଯାଇଛି। ସୂଚନାଥାଉ କି, ପାଇଲଟଙ୍କ ସହିତ ଇଞ୍ଜିନିୟର ଏବଂ ବରିଷ୍ଠ ମ୍ୟାନେଜମେଣ୍ଟ ଅଧିକାରୀମାନଙ୍କୁ ଜାନୁୟାରୀରୁ ବେତନ ମିଳି ନାହିଁ। ଋଣରେ ବୁଡ଼ି ରହିଥିବା ଉକ୍ତ କମ୍ପାନୀ ଅନ୍ୟ ବର୍ଗର କର୍ମଚାରୀଙ୍କୁ ମଧ୍ୟ ମାର୍ଚ୍ଚ ଦରମା ଦେଇନାହିଁ। ଗିଲ୍ଡ ପକ୍ଷରୁ କୁହାଯାଇଛି ଯେ, ପ୍ରାୟ ସାଢ଼େ ୩ ମାସ ହେଲା ସେମାନେ ଦରମା ପାଇନାହାନ୍ତି। ଏହା କେବେ ମିଳିବ ତାହା ଜଣାନାହିଁ। ଏହି କାରଣରୁ ସେମାନେ ୧୫ ତାରିଖ ସକାଳୁ ଆଉ ବିମାନ ନ ଉଡ଼ାଇବାକୁ ଚାହୁଁନାହାନ୍ତି। ସୂଚନାଥାଉ କି, ଏନ୍‌ଏଜି ଏପ୍ରିଲ ପହିଲାରୁ ବିମାନ ନ ଉଡ଼ାଇବାକୁ ଚେତାବନୀ ଶୁଣାଇଥିଲା। କିନ୍ତୁ ମ୍ୟାନେଜମେଣ୍ଟ ସହ ଆଲୋଚନା ପରେ ସେମାନେ ଏପ୍ରିଲ ୧୪ ଯାଏ ଦରମା ପ୍ରଦାନ ପାଇଁ ସମୟ ଦେଇଥିଲେ।

## ଅଧା ଦରମାରେ ସ୍ପାଇସଜେଟ ଯାଉଛନ୍ତି ଜେଟ୍ ପାଇଲଟ

ଜେଟ୍ ଏୟାରୱେଜରେ ଦେଖାଦେଇଥିବା ସଙ୍କଟରୁ ଫାଇଦା ନେବା ଆରମ୍ଭ କରିଛି ଏହାର ପ୍ରତିଦ୍ୱନ୍ଦ୍ୱୀ କମ୍ପାନୀ ସ୍ପାଇସଜେଟ୍। ଜେଟ୍‌ର ପାଇଲଟ ଓ ଇଞ୍ଜିନିୟରଙ୍କୁ ଏହା ଅଧା ଦରମାରେ ଚାକିରିରେ ନିଯୁକ୍ତ କରୁଛି। ଉଦ୍ୟୋଗ ଜଗତ ସୂତ୍ରରୁ ପ୍ରାପ୍ତ ସୂଚନାନୁସାରେ, ଜେଟ୍ ଏୟାରୱେଜ ପାଇଲଟ ଓ ଇଞ୍ଜିନିୟରମାନେ ବର୍ତ୍ତମାନର ଦରମାଠାରୁ ପ୍ରାୟ ୨୫ରୁ୩୦ ପ୍ରତିଶତ ଏପରି କି ୫୦ ପ୍ରତିଶତ କମ୍ ଦରମାରେ ସ୍ପାଇସଜେଟ୍‌ରେ ଯୋଗ ଦେଉଛନ୍ତି। ପୂର୍ବରୁ ଏହି କମ୍ପାନୀ ଜେଟ୍‌ର ପାଇଲଟମାନଙ୍କୁ ଭଲ ଦରମା ପ୍ୟାକେଜରେ ଚାକିରି ଦେଉଥିଲା। ବେସାମରିକ ବିମାନ ଚଳାଚଳ ଉଦ୍ୟୋଗ ସହ ଜଡ଼ିତ ଜଣେ ଅଧିକାରୀ କହିଛନ୍ତି ଯେ, ଜେଟ୍ ଏୟାରୱେଜ ବନ୍ଦ ହେବା ସମ୍ଭାବନା ଅଧିକ ରହିଛି। ଏହି କାରଣରୁ କର୍ମଚାରୀମାନେ କମ୍ ଦରମାରେ ଅନ୍ୟ କମ୍ପାନୀରେ ଯୋଗ ଦେବାକୁ ବାଧ୍ୟ ହେଉଛନ୍ତି।

# ୪,୧୫୨ କୋଟିର ପ୍ରିମିୟମ ସଂଗ୍ରହ କଲା ଏଲ୍‌ଆଇସି

ଭୁବନେଶ୍ୱର, ୧୪–୪



ସି.ବିକାଶ ରାଓ

ଭାରତୀୟ ଜୀବନ ବୀମା ନିଗମ (ଏଲଆଇସି)ର ପୂର୍ବ କେନ୍ଦ୍ରୀୟ ଜୋନ ବୀମା ପ୍ରିମିୟମ ସଂଗ୍ରହ କ୍ଷେତ୍ରରେ ରେକର୍ଡ ହାସଲ କରିଛି। ଜୋନ ପ୍ରଥମ ପ୍ରିମିୟମ ଆୟ ଭାବେ ୪,୧୫୨ କୋଟି ଟଙ୍କା ସଂଗ୍ରହ କରିବାକୁ ସକ୍ଷମ ହୋଇଥିବା ପ୍ରବନ୍ଧକ ସି.ବିକାଶ ରାଓ ସୂଚନା ଦେଇଛନ୍ତି। ଏଲଆଇସିର ଏକମାତ୍ର ଜୋନ ଭାବେ ଏହା ପଲିସି, ଏକକ ପ୍ରିମିୟମ, ନିୟମିତ ପ୍ରିମିୟମ, ମୋଟ ପ୍ରଥମ ପ୍ରିମିୟମ ଆୟ କ୍ଷେତ୍ରରେ ଅଭିବୃଦ୍ଧି ହାସଲ କରିଛି। ପ୍ରଥମ ପ୍ରିମିୟମ ଆୟ ଅଭିବୃଦ୍ଧି ଏବଂ ବଜେଟ ଲକ୍ଷ୍ୟ ହାସଲ ଦିଗରେ ଏହା ସାରା ଦେଶରେ ପ୍ରଥମ ସ୍ଥାନରେ ରହିଛି। ପଲିସିରେ କଟକ ଡିଭିଜନ ପ୍ରଥମ ସ୍ଥାନରେ ରହିଛି। ବ୍ରହ୍ମପୁର ଏବଂ ଭୁବନେଶ୍ୱର ଭଳି ଡିଭିଜନଗୁଡିକ ପଲିସି ଲକ୍ଷ୍ୟ ହାସଲ କରିବାକୁ ସକ୍ଷମ ହୋଇଛନ୍ତି। ପ୍ରଥମ ପ୍ରିମିୟମ ଆୟ କ୍ଷେତ୍ରରେ କଟକ ଡିଭିଜନ ପ୍ରଥମ ରହିଥିବା ବେଳେ ଏଫ୍‌ପିଆଇ କ୍ଷେତ୍ରରେ ହଜାରିବାଗ ଡିଭିଜନ ଅଗ୍ରଣୀ ରହିଛି।

## ହିରୋର ମତଦାନ ସଚେତନତା

ଭୁବନେଶ୍ୱର, ୧୪–୪

ହିରୋ ମୋଟୋକର୍ପ ପକ୍ଷରୁ ୨୦୧୯ ସାଧାରଣ ନିର୍ବାଚନକୁ ନେଇ ମତଦାନ ସଚେତନତା କାର୍ଯ୍ୟକ୍ରମ ଆରମ୍ଭ କରାଯାଇଛି। କମ୍ପାନୀ ଏହାର ୮୫ ନିୟୁତ ଗ୍ରାହକଙ୍କୁ ଏହା ଦ୍ୱାରା ସଚେତନ କରାଉଥିବା ସୂଚନା ଦେଇଛି। ଏହା ସହ କମ୍ପାନୀ ଏକ ଆକର୍ଷକ ଭେଇକିଲ ମେଣ୍ଟେନାନ୍ସ ସ୍କିମ ହାତକୁ ନେଇଛି। ଭୋଟ ଦେଇ ସାରିବା ପରେ ଗ୍ରାହକମାନେ ହିରୋର ଡିଲରଶିପକୁ କାଳି ଲାଗିଥିବା ମାର୍କ ସହ ଆସିଲେ ମାଗଣା ଗାଡି ୱାଶ ସୁବିଧା ଏବଂ ମାତ୍ର ୧୯୯ ଟଙ୍କାରେ ଯାନର ସର୍ଭିସ କରାଇ ପାରିବେ। ଭୋଟଦାନ ପରର ଦୁଇ ଦିନ ପର୍ଯ୍ୟନ୍ତ ଏହି ସୁବିଧା ମିଳିବ। ଏପ୍ରିଲ ଏବଂ ମେ ମାସରେ ଏହାର ଲାଭ ନେବାକୁ କମ୍ପାନୀ ଗ୍ରାହକଙ୍କୁ ନିବେଦନ କରିଛି। ସେହିଭଳି ଗ୍ରାହକ ଭେଇକିଲ ସର୍ଭିସ ପ୍ୟାକେଜକୁ ପ୍ରିବୁକିଂ କରାଇ ପାରିବେ। ଏହି ସୁବିଧା ସମ୍ପର୍କରେ ଜାଣିବା ଲାଗି ଗ୍ରାହକ ନିକଟସ୍ଥ ଡିଲରଶିପ ସହ ସମ୍ପର୍କ କରିବାକୁ କୁହାଯାଇଛି।

## ଜଏଣ୍ଟ ୱାର୍କିଂ ଗ୍ରୁପ ମିଟିଂରେ ଯୋଗଦେବେ ଜେକେ ମହାନ୍ତି

ଭୁବନେଶ୍ୱର,୧୪–୪



ଜେକେ ମହାନ୍ତି

ଅଷ୍ଟ୍ରେଲିଆର ସିଡ୍‌ନୀଠାରେ ଅନୁଷ୍ଠିତ ହେଉଥିବା ତୃତୀୟ ଇଣ୍ଡିଆ–ଅଷ୍ଟ୍ରେଲିଆ ଜଏଣ୍ଟ ୱାର୍କ ଗ୍ରୁପ ମିଟିଂରେ ଭାରତୀୟ ଶିଳ୍ପ ପକ୍ଷରୁ ପ୍ରତିନିଧି ଭାବେ ପ୍ରତିଷ୍ଠିତ ହୋଟେଲିୟର ଜେକେ ମହାନ୍ତି ଯୋଗ ଦେବେ। ପର୍ଯ୍ୟଟନ ଶିଳ୍ପର ବିକାଶ ଲାଗି ଦୁଇ ଦେଶ ମଧ୍ୟରେ ସ୍ୱାକ୍ଷରିତ ହୋଇଥିବା ଏମ୍‌ଓୟୁ ମୁତାବକ ଏହି ବୈଠକ ଆୟୋଜନ ହେଉଛି। ଭାରତୀୟ ପ୍ରତିନିଧି ଦଳରେ ପର୍ଯ୍ୟଟନ ମନ୍ତ୍ରଣାଳୟର ଯୁଗ୍ମ ସଚିବ ସୁମନ ବିଲା ସାମିଲ ଅଛନ୍ତି। ଅଷ୍ଟ୍ରେଲିଆ ପର୍ଯ୍ୟଟକଙ୍କ ନିକଟରେ ଭାରତୀୟ ହୋଟେଲ ଶିଳ୍ପର ମାର୍କେଟିଂ ଏବଂ ପ୍ରୋତ୍ସାହନର ବିଭିନ୍ନ ଦିଗରେ ମହାନ୍ତି ଗୁରୁତ୍ୱାରୋପ କରିବେ। ଭାରତର ବିଭିନ୍ନ ପର୍ଯ୍ୟଟନସ୍ଥଳ, ପ୍ରଡକ୍ଟ, ପର୍ଯ୍ୟଟକ ଟ୍ରାଫିକ ବୃଦ୍ଧି ଲାଗି କେନ୍ଦ୍ର ପର୍ଯ୍ୟଟନ ମନ୍ତ୍ରଣାଳୟ ପକ୍ଷରୁ 'ରୋଡ ଶୋ' ଏହି ଅବସରରେ ଆୟୋଜନ କରାଯାଉଛି।

# ୮୮ ମାମଲାରେ ଅର୍ଦ୍ଧେକ ଋଣ ଅସୁଲ

ନୂଆଦିଲ୍ଲୀ,୧୪–୪




ଦେବାଳିଆ ଏବଂ ଋଣ ସମାଧାନ ସଂହିତା (ଆଇବିସି) ଅଧୀନରେ ବକେୟା ଋଣ ଆଦାୟରେ ସଫଳତା ମିଳୁଛି। ଫେବୃୟାରୀ ୨୮ ସୁଦ୍ଧା ୮୮ ମାମଲାରେ ଋଣପ୍ରଦାନକାରୀଙ୍କ ବକେୟା ବାବଦରେ ଥିବା ୧.୪୨ ଲକ୍ଷ କୋଟି ଟଙ୍କାର ଦାବିରୁ ପ୍ରାୟ ଅଧା ଅସୁଲ ହୋଇସାରିଲାଣି ବୋଲି ଇନ୍‌ସଲଭେନ୍ସି ଆଣ୍ଡ ବ୍ୟାଙ୍କରପ୍ସି ବୋର୍ଡ ଅଫ୍ ଇଣ୍ଡିଆ(ଆଇବିବିଆଇ) ତଥ୍ୟରୁ ସ୍ପଷ୍ଟ ହୋଇଛି। ମୋଟ ବକେୟା ମଧ୍ୟରୁ ବିତ୍ତୀୟ ଋଣପ୍ରଦାନକାରୀଙ୍କର ଦାବି ୧.୩୬ ଲକ୍ଷ କୋଟି ଟଙ୍କା ଥିବା ବେଳେ ପରିଚାଳନା ଋଣପ୍ରଦାନକାରୀ ୬,୪୬୯ କୋଟି ଟଙ୍କା ଦାବି କରିଥିଲେ। ପ୍ରାପ୍ତ ତଥ୍ୟ ଅନୁଯାୟୀ, ବିତ୍ତୀୟ ଋଣପ୍ରଦାନକାରୀମାନେ ମୋଟ ଦାବିର ୪୮.୨୪ ପ୍ରତିଶତ ଏବଂ ପରିଚାଳନ ଋଣପ୍ରଦାନକାରୀ ୪୮.୪୧ ପ୍ରତିଶତ ଦାବି ଅର୍ଥ ଫେରିପାଇଛନ୍ତି। ଋଣପ୍ରଦାନକାରୀ ଏହି ୮୮ ମାମଲାରେ ୬୮,୭୬୬ କୋଟି ଟଙ୍କା ଅସୁଲ କରିଛନ୍ତି। ତନ୍ମଧ୍ୟରୁ ବିତ୍ତୀୟ ଋଣପ୍ରଦାନକାରୀ ୬୫,୬୩୫ କୋଟି ଏବଂ ପରିଚାଳନା ଋଣପ୍ରଦାନକାରୀ ୩,୧୩୧ କୋଟି ଟଙ୍କା ପାଇଛନ୍ତି। ବୋର୍ଡ ପକ୍ଷରୁ ଗତ ସପ୍ତାହରେ ସତ୍ୟପାଠ ଦାଖଲ କରି ଏନ୍‌ସିଏଲ୍‌ଏଟିକୁ ଉକ୍ତ ସୂଚନା ପ୍ରଦାନ କରିଛନ୍ତି। ଏଥିରେ ଦର୍ଶାଯାଇଛି ଯେ, କେତେକ ମାମଲାରେ ଦାବିଠାରୁ ଅଧିକ ରାଶି ଅସୁଲ କରାଯାଇଛି। ବୋର୍ଡର ସତ୍ୟପାଠରେ କୁହାଯାଇଛି ଯେ, ୮୮ ମଧ୍ୟରୁ ୧୧ ମାମଲାରେ ଶତପ୍ରତିଶତ ଅସୁଲ ହୋଇପାରିଛି। ଅନ୍ୟପକ୍ଷରେ ପରିଚାଳନା ଋଣପ୍ରଦାନକାରୀ ୬ ମାମଲାରେ ସମ୍ପୂର୍ଣ୍ଣ ବକେୟା ପାଇଛନ୍ତି। ୩ ମାମଲାରେ ବିତ୍ତୀୟ ଋଣପ୍ରଦାନକାରୀ ୧୦୦ ପ୍ରତିଶତରୁ ଅଧିକ ଆଦାୟ କରିଛନ୍ତି। ଭୂଷଣ ଷ୍ଟିଲ୍ ମାମଲାରେ ୫୭,୫୦୫.୦୫ କୋଟି, ଇଲେକ୍ଟ୍ରୋଷ୍ଟିଲ ମାମଲାରେ ୧୩,୯୫୮ କୋଟି ଏବଂ ମୋନେଟ ଇସ୍ପାତ ମାମଲାରେ ୧୧,୪୭୮.୦୮ କୋଟି ଟଙ୍କା ଆଦାୟ ହୋଇଛି।

## ଫେବୃୟାରୀରେ ଡଲାର କିଣିଛି ଆର୍‌ବିଆଇ

ମୁମ୍ବାଇ,୧୪–୪

ଭାରତୀୟ ରିଜର୍ଭ ବ୍ୟାଙ୍କ (ଆର୍‌ବିଆଇ) ଫେବୃୟାରୀରେ କ୍ରମାଗତ ତୃତୀୟ ମାସ ଡଲାର କିଣିଛି। ଆଲୋଚ୍ୟ ମାସରେ କେନ୍ଦ୍ରୀୟ ବ୍ୟାଙ୍କ ମୁଦ୍ରା ବଜାରରୁ ୮୨.୫୦ କୋଟି ଡଲାର କିଣିଛି। ରିଜର୍ଭ ବ୍ୟାଙ୍କ ତଥ୍ୟରୁ ଜଣାପଡିଛି ଯେ, ଆଲୋଚ୍ୟ ମାସରେ ଆର୍‌ବିଆଇ ୨.୦୮୬ ବିଲିୟନ ଡଲାର କିଣିଥିବା ବେଳେ ୧.୨୬୧ ବିଲିୟନ ଡଲାର ବିକିଥିଲା। ଏଭଳି ଭାବେ ଏହା ୮୨.୫୦ କୋଟି ଡଲାର କିଣିଛି। ଏଥିପୂର୍ବରୁ କେନ୍ଦ୍ରୀୟ ବ୍ୟାଙ୍କ ଆର୍ଥିକ ବର୍ଷ ୨୦୧୮–୧୯ର ଡିସେମ୍ବର ୨୦୧୮ରେ ୬୦.୭୦ କୋଟି ଡଲାର ଏବଂ ଜାନୁୟାରୀ ୨୦୧୯ରେ ୨୯.୩୦ ଡଲାର କିଣିଛି। ଆର୍ଥିକ ବର୍ଷ ୨୦୧୭–୧୮ରେ ରିଜର୍ଭ ବ୍ୟାଙ୍କ ମୁଦ୍ରା ବଜାରରୁ ୩୩.୬୮୯ ବିଲିୟନ ନେଟ୍ ଡଲାର କିଣିଥିଲା।

## ସାମ୍‌ସଙ୍ଗ୍ ଗାଲାକ୍ସି ଏ–୮୦ ବଜାରରେ

ଭୁବନେଶ୍ୱର, ୧୪–୪

ସାମ୍‌ସଙ୍ଗ୍ ପକ୍ଷରୁ ପରବର୍ତ୍ତୀ ପିଢିର ନୂତନ ଗାଲାକ୍ସି ଏ–୮୦ ମୋବାଇଲ୍ ହ୍ୟାଣ୍ଡସେଟ ବଜାରକୁ ଆସିଛି। ଅତ୍ୟାଧୁନିକ ଜ୍ଞାନକୌଶଳରେ ନିର୍ମିତ ଏହି ମଡେଲ ଗ୍ରାହକଙ୍କୁ ଅନନ୍ୟ ଅଭିଜ୍ଞତା ଦେବ। ଦୈନନ୍ଦିନ ଜୀବନଶୈଳୀରେ ବିଭିନ୍ନ ଆବଶ୍ୟକତାକୁ ପୂରଣ କରିବା ଦିଗରେ ଏହା ସହାୟକ ହେବ। ଏହି ଅବସରରେ ସାମସଙ୍ଗ୍ ଇଲେକ୍ଟ୍ରୋନିକ୍ସ ଆଇଟି ଏବଂ ମୋବାଇଲ୍ ସିଇଓ ତଥା ସଭାପତି ଡି.ଜେ. କୋହ କହିଛନ୍ତି ଗ୍ରାହକଙ୍କ ଜୀବନ ଶୈଳୀରେ ପରିବର୍ତ୍ତନ ଆଣିବା ପାଇଁ ସାମ୍‌ସଙ୍ଗ ସର୍ବଦା ପ୍ରୟାସ ଜାରି ରଖିଛି। ଏଥିରେ ୬.୭ ଇଞ୍ଚ ଏଫ୍‌ଏଚ୍‌ଡି ପ୍ଲସ୍ ସ୍କ୍ରିନ୍, ଇନଫିନିଟି–ସୁପର ଆମଲୋଏଡ୍ ଡିସପ୍ଲେ, ୪୮ ଏମ୍‌ପି ସମ୍ମୁଖ କ୍ୟାମେରା, ୮ ଏମ୍‌ପି ୱାଇଡ୍ ବିଏମ୍‌ପି ପଛ କ୍ୟାମେରା, ୩,୭୦୦ ଏମ୍‌ଏଏଚ୍ ବ୍ୟାଟେରି ଭଳି ଅନ୍ୟାନ୍ୟ ପ୍ରମୁଖ ବୈଶିଷ୍ଟ୍ୟ ରହିଛି।

# ଫୋର୍ବସ୍ ୟଙ୍ଗ ଆଚିଭର୍ସ ତାଲିକାରେ ଅଭିନବ

ନୂଆଦିଲ୍ଲୀ, ୧୪–୪



ଅଭିନବ ଅଗ୍ରୱାଲ

ଫୋର୍ବସ୍ ପତ୍ରିକା ପକ୍ଷରୁ ପ୍ରକାଶ ପାଉଥିବା ଅଣ୍ଡର–୩୦ ଏସିଆ ୟଙ୍ଗ ଆଚିଭର୍ସ ୨୦୧୯ ତାଲିକାରେ ଗ୍ରେଟର ନଏଡା ନିବାସୀ ଅଭିନବ ଅଗ୍ରୱାଲ ସ୍ଥାନିତ ହୋଇଛନ୍ତି। କଳା କ୍ଷେତ୍ରରେ ଅବଦାନ ଲାଗି ତାଙ୍କୁ ଏହି ସଫଳତା ମିଳିଛି। ଚଳିତ ବର୍ଷ ତାଲିକାରେ ବିଭିନ୍ନ ବର୍ଗ ଲାଗି ୫୯ ଯୁବ ଭାରତୀୟଙ୍କୁ ସାମିଲ କରାଯାଇଛି। ଦେଶ ମଧ୍ୟରେ ଥିବା ବିଭିନ୍ନ ଆଦିବାସୀ ଅଞ୍ଚଳର ଲୁପ୍ତ ଲୋକ ସଙ୍ଗୀତର ସଂରକ୍ଷଣ ତଥା ଲୋକପ୍ରିୟତା ବଢାଇବା ଦିଗରେ ତାଙ୍କର ଯୋଗଦାନକୁ ବିଚାର କରି ଫୋର୍ବସ୍ ତାଙ୍କୁ ତାଲିକାରେ ସାମିଲ କରିଛି। ୨୬ ବର୍ଷୀୟ ଅଗ୍ରୱାଲ ଟେକ୍ନୋଲୋଜି ବ୍ୟବହାର ଦ୍ୱାରା ଲୋକ ସଙ୍ଗୀତର ସଂରକ୍ଷଣ ଦିଗରେ କାର୍ଯ୍ୟ କରୁଛନ୍ତି। ବର୍କଲେ କଲେଜ ଅଫ ମ୍ୟୁଜିକରୁ ଶିକ୍ଷା ଗ୍ରହଣ କରିଥିବା ଅଭିନବ ଅନହଦ ଫାଉଣ୍ଡେଶନ ନାମକ ଏନ୍‌ଜିଓର ପ୍ରତିଷ୍ଠା ମଧ୍ୟ କରିଛନ୍ତି। ଅନହଦ ଜରିଆରେ ସେ ୟୁଟ୍ୟୁବ୍‌ରେ ଏହି ସଂଗୀତ ପ୍ରକଳ୍ପକୁ ଲଞ୍ଚ କରିବା ସହ ଆଇରିୟଲିଟିକୁ କଳାକାରଙ୍କ ନିକଟରେ ପହଞ୍ଚାଇବା କାମ କରୁଛନ୍ତି। କଳାକାରମାନେ କିଭଳି ଜୀବିକା ପାଇପାରିବେ ସେ ଦିଗରେ ମଧ୍ୟ ତାଙ୍କର ଯୋଗଦାନ ରହିଛି। ୨୦୧୬ ଅକ୍ଟୋବରରେ ଗ୍ରାଜୁଏଶନ ସାରିବା ପରେ ସେ ବର୍ତ୍ତମାନ ପର୍ଯ୍ୟନ୍ତ ରାଜସ୍ଥାନ, ପଞ୍ଜାବ, ହିମାଚଳ ପ୍ରଦେଶ, ଝାଡଖଣ୍ଡ ଏବଂ କର୍ନାଟକର ପ୍ରାୟ ୮୦୦ରୁ ଊର୍ଦ୍ଧ୍ୱ କଳାକାରଙ୍କ ସହ କାମ କରି ସାରିଛନ୍ତି। କଳାକାରଙ୍କୁ ଖୋଜିବା ଲାଗି ଅଭିନବ ଜୟସାଲମେର, ବଡମେର, ଯୋଧପୁର, ପଟିଆଲା, ସଙ୍ଗପୁର, ଚଣ୍ଡୀଗଡ, ଚମ୍ବା, ଧର୍ମଶାଳା, କୁଲ୍ଲୁ ଭଳି ବିଭିନ୍ନ ସ୍ଥାନ ଯାଇ ମ୍ୟୁଜିକ ରେକର୍ଡ କରିଛନ୍ତି। ଲୋକ ସଙ୍ଗୀତର ସଂରକ୍ଷଣ ଦିଗରେ ଏତେଟା କାର୍ଯ୍ୟ ହୋଇ ନ ଥିବାରୁ ଏ ଦିଗରେ ନିଜର ଯୋଗଦାନ ରଖିଥିବା ଅଭିନବ କହିଛନ୍ତି।

# କେନ୍ଦ୍ରୀୟ ବ୍ୟାଙ୍କ ସ୍ୱାଧୀନତାରୁ ମିଳିଛି ସଫଳତା: ଲାଗାର୍ଡ

**ୱାଶିଂଟନ ଡିସି,୧୪–୪:** କେନ୍ଦ୍ରୀୟ ବ୍ୟାଙ୍କକୁ ସରକାର ଦେଇଥିବା ସ୍ୱାଧୀନତାରୁ ଭଲ ସଫଳତା ମିଳିଛି ବୋଲି ଅନ୍ତର୍ରାଷ୍ଟ୍ରୀୟ ମୁଦ୍ରା ପାଣ୍ଠି(ଆଇଏମ୍‌ଏଫ୍) ପ୍ରମୁଖ କ୍ରିଷ୍ଟିନ ଲାଗାର୍ଡ ପ୍ରକାଶ କରିଛନ୍ତି। ବିଶ୍ୱର ଅନେକ ଦେଶରେ ରିଜର୍ଭ ବ୍ୟାଙ୍କ ଉପରେ ସରକାରଙ୍କ ହସ୍ତକ୍ଷେପ ବଢୁଥିବା ବେଳେ ଲାଗାର୍ଡଙ୍କ ମନ୍ତବ୍ୟ ବେଶ ପ୍ରଣିଧାନଯୋଗ୍ୟ। ସୂଚନାଥାଉ କି, ଫେଡେରାଲ ରିଜର୍ଭ ଦ୍ୱାରା ନୀତିଗତ ସୁଧ ହାର ବୃଦ୍ଧି କରାଯିବା ପରେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଏହାକୁ ନେଇ ସମାଲୋଚନା କରିଥିଲେ। ସେ ଫେଡେରାଲ ରିଜର୍ଭର କେନ୍ଦ୍ରୀୟ ନିର୍ଦ୍ଦେଶକମଣ୍ଡଳରେ ଖାଲିପଡିଥିବା ସ୍ଥାନକୁ ପୂରଣ କରିବା ଲାଗି ନିଜ ପାର୍ଟି ରିପବ୍ଲିକାନର ବିଶ୍ୱସ୍ତ ବ୍ୟକ୍ତିଙ୍କୁ ମନୋନୀତ କରିଥିଲେ। ଭାରତରେ ମଧ୍ୟ କେତେକ ମୁଖ୍ୟ ପ୍ରସଙ୍ଗରେ ରିଜର୍ଭ ବ୍ୟାଙ୍କ ଉପରେ ଏନ୍‌ଡିଏ ସରକାରଙ୍କ କ୍ରମାଗତ ଚାପ ରହିବା ଯୋଗୁ ଦୁଇ ଜଣ ଗଭର୍ନର ରଘୁରାମ ରାଜନ ଏବଂ ଡଃ. ଉର୍ଜିତ ପଟେଲଙ୍କ ସହ ମତାନ୍ତର ଦେଖାଦେଇଥିଲା। ଉର୍ଜିତ ସମୟ ପୂର୍ବରୁ ନିଜ ପଦରୁ ଇସ୍ତଫା ଦେଇଥିବା ବେଳେ ସରକାର ରାଜନଙ୍କ କାର୍ଯ୍ୟକାଳକୁ ଆଉ ବୃଦ୍ଧି କରି ନ ଥିଲେ। ଏଠାରେ ଆୟୋଜିତ ବିଶ୍ୱ ବ୍ୟାଙ୍କ ଏବଂ ଅନ୍ତର୍ଜାତୀୟ ମୁଦ୍ରା ପାଣ୍ଠିର ଗ୍ରୀଷ୍ମକାଳୀନ ସମ୍ମିଳନୀର ଉଦ୍‌ଯାପନୀ ଉତ୍ସବରେ ଯୋଗ ଦେଇ ଲାଗାର୍ଡ ପରାମର୍ଶ ଦେଇ କହିଛନ୍ତି ଯେ, କେନ୍ଦ୍ରୀୟ ବ୍ୟାଙ୍କର ଅଧିକାରୀମାନେ ଜନତାଙ୍କ ପ୍ରତି ଉତ୍ତରଦାୟୀ ହେବା ସହିତ ନିଷ୍ପତ୍ତି ନେବାରେ ସ୍ୱଚ୍ଛତା ଅବଲମ୍ବନ କରିବା ଉଚିତ୍।

MCL
**Mahanadi Coalfields Limited**
(A Subsidiary of Coal India Limited)
Jagruti Vihar, Burla-768020, Dist-Sambalpur, Odisha
Ph.(EPABX):0663-2542461 to 469, Website: www.mahanadicoal.in

**GENERAL TENDER NOTICE FOR e-PROCUREMENT**

Mahanadi Coalfields Limited(MCL) is inviting its Tenders having estimated value of ₹2.00 Lakhs and above related to WORKS (Civil works, Electrical & Mechanical works etc.), SERVICES (Coal transportation, Coal loading, Extraction of Coal by Surface Miner, Overburden removal etc.) and GOODS (Procurement of Equipments, Spares, Consumables, Medicines etc. and Hiring of Vehicles) through e-Procurement mode. However all the Limited Tenders pertaining to procurement of Goods irrespective of value will be published in the e-Procurement portal. Tender Notices can be viewed on the e-Procurement portal of CIL (**https://coalindiatenders.nic.in**) as well as on the Central Public Procurement portal of Govt. of India (**http://eprocure.gov.in**). Bids are to be submitted ONLINE on the above e-Procurement portal of CIL by enrolled Bidders. EMD can also be submitted online. Enrollment of Bidders on the e-Procurement portal of CIL is free of cost and can be done online by the bidders themselves, having valid Digital Signature Certificate (DSC). Bidders are requested to regularly visit above e-Procurement portal of CIL for enrollment and participation in Tenders. Contact details : Tel. No. 0663-2542264 / 2542695 (available during office hours only), e-Mail : **hlp-eproc.mcl@nic.in**
R-4900
*Give a missed call on toll free number 1800 200 3004 to get our apps.*

No. 3-D:-
**ବିଜ୍ଞାପନ**
ତା୦୭।୦୪।୨୦୧୯

ରାଜ୍ୟର ସମସ୍ତ ରାଜନୈତିକ ଦଳ, ପ୍ରାର୍ଥୀ/ପ୍ରାର୍ଥିନୀ ତଥା ମୁଦ୍ରଣ ଗଣମାଧ୍ୟମର ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ସମ୍ବାଦପତ୍ରମାନଙ୍କରେ ଅପମାନଜନକ ଓ ବିଭ୍ରାନ୍ତିକର ବିଜ୍ଞାପନମାନ ପ୍ରକାଶିତ ହେଉଥିବାର ଅନେକ ଦୃଷ୍ଟାନ୍ତ ଅତୀତରେ ନିର୍ବାଚନ କମିଶନଙ୍କ ଦୃଷ୍ଟିକୁ ଅଣାଯାଇଅଛି। ନିର୍ବାଚନର ଶେଷ ସୋପାନରେ ଏହିପରି ବିଜ୍ଞାପନ ସମଗ୍ର ନିର୍ବାଚନ ପଦ୍ଧତିକୁ କ୍ଷତି ପହଞ୍ଚାଇଥାଏ। ଏହାଦ୍ୱାରା କ୍ଷତିଗ୍ରସ୍ତ ହେଉଥିବା ପ୍ରାର୍ଥୀ/ପ୍ରାର୍ଥିନୀ ଓ ରାଜନୈତିକ ଦଳଗୁଡ଼ିକ ଏ ସମ୍ବନ୍ଧରେ ସ୍ପଷ୍ଟୀକରଣ ଦେବା କିମ୍ବା ଖଣ୍ଡନ କରିବାକୁ ସୁଯୋଗ ପାଇପାରନ୍ତି ନାହିଁ। ଏହିପରି ଘଟଣାର ପୁନରାବୃତ୍ତି ନ ହେବା ତଥା ଏହିପରି ବିଭ୍ରାନ୍ତିକର, ଉତ୍ତେଜକ ଓ ଘୃଣ୍ୟ ବିଜ୍ଞାପନ ଯୋଗୁଁ କୌଣସି ଅପ୍ରୀତିକର ପରିସ୍ଥିତି ସୃଷ୍ଟି ନ ହେବା ପାଇଁ ସମ୍ବିଧାନର ଧାରା ୩୨୪ ଦ୍ୱାରା ପ୍ରଦତ୍ତ କ୍ଷମତା ବଳରେ କମିଶନ ଏହି ନିର୍ଦ୍ଦେଶ ଦେଉଛନ୍ତି ଯେ କୌଣସି ରାଜନୈତିକ ଦଳ, ପ୍ରାର୍ଥୀ/ପ୍ରାର୍ଥିନୀ କିମ୍ବା ଅନ୍ୟ ସଂଗଠନ ପ୍ରତ୍ୟେକ ପର୍ଯ୍ୟାୟର ମତଦାନ ଦିବସ ଓ ତା'ର ପୂର୍ବଦିନରେ ପ୍ରକାଶିତ ହେଉଥିବା କୌଣସି ସମ୍ବାଦପତ୍ରରେ ରାଜ୍ୟ/ଜିଲ୍ଲାସ୍ତରୀୟ ଗଣମାଧ୍ୟମ ପ୍ରମାଣୀକରଣ ଓ ପର୍ଯ୍ୟାଲୋଚନା କମିଟି ଦ୍ୱାରା ପ୍ରାକ୍ ପ୍ରମାଣିତ ହୋଇନଥିବା କୌଣସି ବିଜ୍ଞାପନ ପ୍ରକାଶନ କରିପାରିବେ ନାହିଁ।

ରାଜ୍ୟରେ ପ୍ରସାରଣ ହେଉଥିବା ସମସ୍ତ ମୁଦ୍ରଣ ଗଣମାଧ୍ୟମମାନଙ୍କରେ ପ୍ରକାଶିତ ହେବାକୁ ଥିବା ରାଜନୈତିକ ବିଜ୍ଞାପନ କ୍ଷେତ୍ରରେ ଏହା ପ୍ରଯୁଜ୍ୟ।

12030/11/0001/1920

ଧରିତ୍ରୀ
DHARITRI
ଭୁବନେଶ୍ୱର, ସୋମବାର, ୧୫ ଏପ୍ରିଲ, ୨୦୧୯



" ଆମ ଦଳର ନେଟ୍ସ ବେଳେ ଟିମ୍‌ମେଟ ଜୋସ୍ ବଟଲରଙ୍କୁ ବୋଲିଂ କରିବା ଦ୍ୱାରା ମୋର ଯଥେଷ୍ଟ ଉନ୍ନତି ଘଟିଛି।
–ଧାୱଲ କୁଲକର୍ନୀ, ରାଜସ୍ଥାନ ରୟାଲ୍ସ ସିମ୍ ବୋଲର



" ଅମ୍ପାୟର ଉଲ୍ଲାସ ଗାନ୍ଧେଙ୍କ ଉପରେ କ୍ରୋଧ ପ୍ରକାଶ କରିବା ଘଟଣାରେ ମହେନ୍ଦ୍ର ସିଂ ଧୋନୀଙ୍କୁ ୨ରୁ ୩ ମ୍ୟାଚ ବାସନ୍ଦ କରାଯିବା ଉଚିତ୍ ।
–ବୀରେନ୍ଦ୍ର ସେହ୍ୱାଗ, ପୂର୍ବତନ ଭାରତୀୟ ଓପନର



## ଆଜିର ମ୍ୟାଚ

ମୁମ୍ବାଇ ଇଣ୍ଡିଆନ୍ସ
ବନାମ
ରୟାଲ ଚ୍ୟାଲେଞ୍ଜର୍ସ ବାଙ୍ଗାଲୋର



ସ୍ଥାନ : ମୁମ୍ବାଇ
ସମୟ : ରାତି ୮ଟା
ପ୍ରସାରଣ: ଷ୍ଟାର ସ୍ପୋର୍ଟ୍ସ

# ଚେନ୍ନାଇ ପ୍ଲେ-ଅଫ୍‌ର ନିକଟତର

**କୋଲକାତା, ୧୪।୪**

ଚଳିତ ଇଣ୍ଡିଆନ ପ୍ରିମିୟର ଲିଗ୍ (ଆଇପିଏଲ-୧୨)ରେ ପ୍ରଥମ ଦଳଭାବେ ଚେନ୍ନାଇ ସୁପର କିଙ୍ଗ୍ସ ଚମତ୍କାର ପ୍ରଦର୍ଶନ ଜାରି ରଖି ପ୍ଲେ-ଅଫ୍‌ର ନିକଟତର ହୋଇଛି। ୮ ମ୍ୟାଚରୁ ୭ ବିଜୟ ସହ ଦଳ ୧୪ ପଏଣ୍ଟରେ ପହଞ୍ଚି ଟେବୁଲରେ ନିଜର ଶୀର୍ଷସ୍ଥାନକୁ ଦୃଢ଼ କରିଛି ମହେନ୍ଦ୍ର ସିଂ ଧୋନୀଙ୍କ ଦଳ। ରବିବାର ଅନୁଷ୍ଠିତ ମ୍ୟାଚରେ କୋଲକାତା ନାଇଟ ରାଇଡର୍ସଙ୍କୁ ୫ ଉଇକେଟରେ ପରାସ୍ତ କରିଛି ସୁପର

**ଆଇପିଏଲ-୧୨**

କିଙ୍ଗ୍ସ। ଅନ୍ୟପକ୍ଷରେ କ୍ରମାଗତ ୩ୟ ପରାଜୟ ବରଣ କରି ୮ ପଏଣ୍ଟରେ ସ୍ଥିର ରହିଛି ନାଇଟ ରାଇଡର୍ସ।

କୋଲକାତା ପକ୍ଷରୁ ଧାର୍ଯ୍ୟ ୧୬୨ ରନ ବିଜୟ ଲକ୍ଷ୍ୟକୁ ସୁପର କିଙ୍ଗ୍ସ ୧୯.୪ ଓଭରରେ ୫ ଉଇକେଟ ହରାଇ ହାସଲ କରିଛି। ଦୁଇ ଭେଟେରାନ ଖେଳାଳି ସୁରେଶ ରାଇନା ଓ ରବୀନ୍ଦ୍ର ଜାଡେଜା ଚେନ୍ନାଇ ପାଇଁ ମ୍ୟାଚ ବିଜେତା ସାବ୍ୟସ୍ତ ହୋଇଛନ୍ତି। ୧୫.୪ ଓଭରରେ ୧୨୧ ରନ କରି ୫ମ ଉଇକେଟ ହରାଇଥିବା ଚେନ୍ନାଇକୁ ରାଇନା ଓ ଜାଡେଜା ଅସମାପ୍ତ ୬ଷ୍ଠ ଉଇକେଟରେ ୨୬ ବଲ୍‌ରୁ ୪୧ ରନ ସଂଗ୍ରହ କରି ବିଜୟ ମୁକୁଟ ପିନ୍ଧାଇଛନ୍ତି। ରାଇନା ୪୨ ବଲ୍‌ରୁ ୭ ଚୌକା ଓ ୧ ଛକା ସହାୟତାରେ ୫୮ ଏବଂ ଜାଡେଜା ୧୭ ବଲ୍‌ରୁ ୫ ଚୌକା ସହ ୩୧ ରନରେ ଅପରାଜିତ ରହିଛନ୍ତି। ଓପନର ଶେନ ୱାଟସନ ପୁଣି ବିଫଳ ହୋଇ ମାତ୍ର ୬ ରନରେ ପ୍ୟାଭିଲିୟନ ଫେରିଥିବାବେଳେ ଫାଫ୍ ଡୁପ୍ଲେସି ୨୪,



ମ୍ୟାନ ଅଫ ଦି ମ୍ୟାଚ ଇମ୍ରାନ ତାହିର ।

ଅମ୍ବାତି ରାୟୁଡୁ ୫, କେଦାର ଯାଦବ ୨୦ ଓ ମହେନ୍ଦ୍ର ସିଂ ଧୋନୀ ୧୬ ରନରେ ଆଉଟ ହେବାରୁ ଚେନ୍ନାଇର ବିଜୟକୁ ନେଇ ଆଶଙ୍କା ଦେଖା ଦେଇଥିଲା। ମାତ୍ର ରାଇନା ଡୁ ପ୍ଲେସିଙ୍କ ସହ ୧୫, ରାୟୁଡୁଙ୍କ ସହ ୧୭, କେଦାରଙ୍କ ସହ ୨୦, ଧୋନୀଙ୍କ ସହ ୪୦ ଓ ଜାଡେଜାଙ୍କ ସହ ୪୧ ରନର ଭାଗୀଦାରି ଗଢ଼ି ସୁପରକିଙ୍ଗ୍ସ ବିଜୟର କର୍ଣ୍ଣଧାର ସାଜିଥିଲେ। କୋଲକାତା ବୋଲରଙ୍କ ମଧ୍ୟରେ ପୀୟୂଷ ଚାୱଲା ଓ ସୁନୀଲ ନାରିନ ୨ଟି ଲେଖାଏ ଏବଂ ହାରି ଗର୍ନେ ଗୋଟିଏ ଉଇକେଟ ନେଇଛନ୍ତି।

ଟସ୍ ହାରି ପ୍ରଥମେ ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ନାଇଟ ରାଇଡର୍ସ କ୍ରିସ୍ ଲିନ୍‌ଙ୍କ ୮୨ ରନ ସତ୍ତ୍ୱେ ୨୦ ଓଭରରେ ୮ ଉଇକେଟ ହରାଇ ୧୬୧ ରନ କରି ପାରିଥିଲା। ଟପ୍ ଅର୍ଡରରେ ବିସ୍ଫୋରକ ବ୍ୟାଟିଂ କରୁଥିବା ସୁନୀଲ ନାରିନ, ମିଡିଲ ଅର୍ଡରରେ ରବିନ ଉଥପ୍ପା ଓ ଲୋୟର ଅର୍ଡରରେ ଆନ୍ଦ୍ରେ ରସେଲ ବିଫଳ ହେବାରୁ ଦଳ ବଡ଼ ସ୍କୋର କରିବାରୁ ବଞ୍ଚିତ ହୋଇଥିଲା। ୫୧ ବଲ୍ ଖେଳିଥିବା ଲିନ୍ ନିଜ ଇନିଂସ ମଧ୍ୟରେ ୭ ଚୌକା ଓ ୬ ଛକା ମାରିଥିଲେ। ନୀତୀଶ ରାଣା ଦ୍ୱିତୀୟ ସର୍ବାଧିକ ୨୧ ରନ କରିଥିବାବେଳେ ଅଧିନାୟକ ଦୀନେଶ କାର୍ତ୍ତିକ ୧୮, ଶୁବମନ ଗିଲ ୧୫, ରସେଲ ୧୦, ନାରିନ ୨ ରନ କରିଥିଲେ। ଉଥପ୍ପା ଖାତା ଖୋଲିବା ପୂର୍ବରୁ ଆଉଟ ହୋଇ ଯାଇଥିଲେ। ଚେନ୍ନାଇର ଇମ୍ରାନ ତାହିର ୨୭ ରନରେ ୪ଟି ଉଇକେଟ ନେଇ କୋଲକାତାର ବ୍ୟାଟିଂ ବିପର୍ଯ୍ୟୟ ଘଟାଇଥିଲେ। ପୁରସ୍କାର ସ୍ୱରୂପ ତାଙ୍କୁ ଶେଷରେ ମ୍ୟାନ ଅଫ ଦି ମ୍ୟାଚ ପୁରସ୍କାର ପ୍ରଦାନ କରାଯାଇଥିଲା। ଶାର୍ଦ୍ଦୁଳ ଠାକୁର ୨ଟି ଏବଂ ମିଚେଲ ସାଣ୍ଟନର ଗୋଟିଏ ଉଇକେଟ ନେଇଥିଲେ।

### ସଂକ୍ଷିପ୍ତ ସ୍କୋର

- କୋଲକାତା ନାଇଟ ରାଇଡର୍ସ ୨୦ ଓଭରରେ ୧୬୧/୮(ଲିନ-୮୨, ରାଣା-୨୧, ତାହିର-୪/୨୭, ଠାକୁର-୨/୧୮, ସାଣ୍ଟନର-୧/୩୦)।
- ଚେନ୍ନାଇ ସୁପର କିଙ୍ଗ୍ସ ୧୯.୪ ଓଭରରେ ୧୬୨/୫(ରାଇନା-୫୮*, ଜାଡେଜା-୩୧*, ଡୁପ୍ଲେସି-୨୪, ଚାୱଲା-୨/୩୨, ନାରିନ-୨/୧୯, ଗର୍ନେ-୧/୩୭)।
- ମ୍ୟାନ ଅଫ ଦି ମ୍ୟାଚ: ଇମ୍ରାନ ତାହିର



ଝିଅ ଜିଭା ସହ ଚେନ୍ନାଇ ସୁପରକିଙ୍ଗ୍‌ସ ଅଧିନାୟକ ମହେନ୍ଦ୍ର ସିଂ ଧୋନୀ।

## କୋହଲିଙ୍କୁ ୧୨ ଲକ୍ଷ ଟଙ୍କା ଅର୍ଥଦଣ୍ଡ

**ମୋହାଲି, ୧୪।୪(ପି.ଟି.)**

ରୟାଲ ଚ୍ୟାଲେଞ୍ଜର୍ସ ବାଙ୍ଗାଲୋର ଅଧିନାୟକ ବିରାଟ କୋହଲିଙ୍କୁ ୧୨ ଲକ୍ଷ ଟଙ୍କା ଜରିମାନା କରାଯାଇଛି। ଶନିବାର ଏଠାରେ ଖେଳାଯାଇଥିବା କିଙ୍ଗ୍ସ ଇଲେଭେନ ପଞ୍ଜାବ ବିପକ୍ଷ ମ୍ୟାଚ୍‌ରେ ବାଙ୍ଗାଲୋର ସ୍ଲୋ-ଓଭର ବୋଲିଂ କରିଥିବାରୁ ଅଧିନାୟକ ଭାବେ କୋହଲିଙ୍କୁ ଏହି ଦଣ୍ଡ ହୋଇଛି। 'ଚଳିତ ଟୁର୍ନାମେଣ୍ଟରେ ବାଙ୍ଗାଲୋର ପ୍ରଥମଥର ଲାଗି ନିର୍ଦ୍ଧାରିତ ସମୟ ସୀମାଠାରୁ କମ୍ ଓଭର ବୋଲିଂ କରିଥିବାରୁ ଆଇପିଏଲ୍ ନିୟମ ଅନୁଯାୟୀ କୋହଲିଙ୍କୁ ୧୨ ଲକ୍ଷ ଟଙ୍କା ଜରିମାନା କରାଯାଇଛି' ବୋଲି ରବିବାର ଆଇପିଏଲ୍ ପକ୍ଷରୁ ଏକ ବିବୃତିରେ କୁହାଯାଇଛି। ଏହି ମ୍ୟାଚ୍‌ରେ ବାଙ୍ଗାଲୋର ୮ ଉଇକେଟ୍‌ରେ ପଞ୍ଜାବକୁ ପରାସ୍ତ କରିଥିଲା। ଚଳିତ ସିଜନରେ ଲଗାତର ୬ ମ୍ୟାଚ୍ ହାରିବା ପରେ ପ୍ରଥମଥର ଲାଗି ବିରାଟ ବାହିନୀ ବିଜୟ ସ୍ୱାଦ ଚାଖିଥିଲା। ପ୍ରକାଶଯୋଗ୍ୟ, ବିରାଟଙ୍କ ପୂର୍ବରୁ ମୁମ୍ବାଇ ଇଣ୍ଡିଆନ୍ସ ଅଧିନାୟକ ରୋହିତ୍ ଶର୍ମା ଓ ରାଜସ୍ଥାନ ରୟାଲ୍ସର ଅଜିଙ୍କ୍ୟ ରାହାନେଙ୍କୁ ସମାନ କାରଣ ଲାଗି ୧୨ଲକ୍ଷ ଲେଖାଏ ଜରିମାନା କରାଯାଇଥିଲା।

## ସଂକ୍ଷେପରେ

### ଟି୨୦ ମ୍ୟାଚ୍ ଖେଳିବାରେ ମୁମ୍ବାଇର ରେକର୍ଡ

**ମୁମ୍ବାଇ, ୧୪।୪:** କ୍ରିକେଟ ଇତିହାସରେ ମୁମ୍ବାଇ ଇଣ୍ଡିଆନ୍ସ ପ୍ରଥମ ଦଳ ଭାବେ ୨୦୦ ଟି୨୦ ମ୍ୟାଚ୍ ଖେଳିବାର ରେକର୍ଡ କରିଛି। ଶନିବାର ସ୍ଥାନୀୟ ୱାଙ୍ଖେଡେ ଷ୍ଟାଡିୟମରେ ଆଇପିଏଲ୍‌ର ୨୭ତମ ମ୍ୟାଚ୍‌ରେ ମୁମ୍ବାଇ ଅଜିଙ୍କ୍ୟ ରାହାନେଙ୍କ ନେତୃତ୍ୱାଧୀନ ରାଜସ୍ଥାନ ରୟାଲ୍ସ ବିପକ୍ଷ ମ୍ୟାଚ୍ ଖେଳିବା ସହ ଏହି କିର୍ତ୍ତିମାନ ସ୍ଥାପନ କରିଥିଲା। ରୋହିତ୍ ଶର୍ମାଙ୍କ ମୁମ୍ବାଇ ଦଳ ଏହି ଅବସରରେ ଇଂଲଣ୍ଡ କାଉଣ୍ଟି କ୍ରିକେଟ କ୍ଲବ ସମରସେଟ୍‌କୁ ପଛରେ ପକାଇ ଦେଇଛି। ସମରସେଟ୍ ବର୍ତ୍ତମାନ ସୁଦ୍ଧା ୧୯୯ ଟି୨୦ ମ୍ୟାଚ୍ ଖେଳିଛି। ଆଇପିଏଲ୍‌ରେ ମୁମ୍ବାଇ ୨୦୧୩, ୨୦୧୫ ଓ ୨୦୧୭ରେ ଚାମ୍ପିୟନ ହେବାର ସୌଭାଗ୍ୟ ଲାଭ କରିଥିଲା। ମୁମ୍ବାଇ ବ୍ୟତୀତ ଆଇପିଏଲ୍‌ର ଅନ୍ୟ ୨ ଫ୍ରାଞ୍ଚାଇଜ ଭାବେ ରୟାଲ ଚ୍ୟାଲେଞ୍ଜର୍ସ ବାଙ୍ଗାଲୋର ଓ କୋଲକାତା ନାଇଟ୍ ରାଇଡର୍ସ ସର୍ବାଧିକ ଟି୨୦ ମ୍ୟାଚ୍ ଖେଳିଥିବା ଟିମ୍ ତାଲିକାର ଟପ୍-୫ରେ ରହିଛନ୍ତି।

### ଟି୨୦ରେ ବିରଳ କ୍ଲବ୍‌ରେ ଗେଲ୍



**ମୋହାଲି, ୧୪।୪:** ୱେଷ୍ଟଇଣ୍ଡିଜର ବିସ୍ଫୋରକ ଓପନର କ୍ରିସ ଗେଲ୍ ଟି୨୦ କ୍ରିକେଟରେ ଏକ ବିରଳ ରେକର୍ଡ କରିଛନ୍ତି। ଟି୨୦ କ୍ରିକେଟରେ ବିଶ୍ୱର ପ୍ରଥମ ଖେଳାଳିଭାବେ ଗେଲ୍ ୧୦୦ଥର ୫୦ କିମ୍ବା ଏହାଠାରୁ ଉର୍ଦ୍ଧ୍ୱ ରନ ସଂଗ୍ରହ କରିବାର ସୌଭାଗ୍ୟ ଲାଭ କରିଛନ୍ତି। ଶନିବାର ଆଇପିଏଲ୍‌ରେ ଏଠାରେ ଖେଳାଯାଇଥିବା କିଙ୍ଗ୍ସ ଇଲେଭେନ ପଞ୍ଜାବ ଓ ରୟାଲ ଚ୍ୟାଲେଞ୍ଜର୍ସ ବାଙ୍ଗାଲୋର ମ୍ୟାଚ୍‌ରେ ଗେଲ୍ ଏହି ରେକର୍ଡ ଲାଭ କରିଛନ୍ତି। ଏହି ମ୍ୟାଚ୍‌ରେ ଗେଲ୍ ଅପରାଜିତ ୯୯ ରନ ଇନିଂସ ଖେଳିଥିଲେ ମଧ୍ୟ ପଞ୍ଜାବ ପରାସ୍ତ ହୋଇଥିଲା। ପଞ୍ଜାବ ପ୍ରଥମେ ବ୍ୟାଟିଂ କରି ୪ ଉଇକେଟ୍ ବିନିମୟରେ ୧୭୩ ରନ କରିଥିଲାବେଳେ ବାଙ୍ଗାଲୋର ଅଧିନାୟକ ବିରାଟ କୋହଲି ଓ ଏବି ଡି ଭିଲର୍ସଙ୍କ ଅର୍ଦ୍ଧଶତକ ସହାୟତାରେ ୨ ଉଇକେଟ୍ ହରାଇ ଲକ୍ଷ୍ୟ ହାସଲ କରିନେଇଥିଲା। ଦଳ ପରାସ୍ତ ହୋଇଥିଲେ ମଧ ଟି୨୦ ଇତିହାସରେ ଗେଲ୍ ପ୍ରଥମ ଖେଳାଳିଭାବେ ୧୦୦ଥର ୫୦ କିମ୍ବା ଏହାଠାରୁ ଉର୍ଦ୍ଧ୍ୱ ରନ କରିବାର କୀର୍ତ୍ତିମାନ କରିଛନ୍ତି। ବର୍ତ୍ତମାନ ସୁଦ୍ଧା ସେ ଓଭରଅଲ୍ ଏହି ଫର୍ମାଟ୍‌ରେ ୩୭୦ ଇନିଂସରୁ ୨୧ ଶତକ ଓ ୭୯ ଅର୍ଦ୍ଧଶତକ ସହ ୧୨,୬୪୦ ରନ ସଂଗ୍ରହ କରିଛନ୍ତି। ସେହିଭଳି ଆଇପିଏଲ୍ ଇତିହାସରେ ୯୯ ରନରେ ଅପରାଜିତ ରହିବାରେ ଗେଲ୍ ୨ୟ ଖେଳାଳି ହୋଇଛନ୍ତି। ତାଙ୍କ ପୂର୍ବରୁ ଚେନ୍ନାଇ ସୁପର୍‌କିଙ୍ଗ୍ସର ସୁରେଶ ରାଇନା ୯୯ ରନରେ ଅପରାଜିତ ରହିଥିଲେ।

### ଆଇପିଏଲ୍ ପଏଣ୍ଟ ଟେବୁଲ

| ଟିମ୍ | ଖେଳିଛି | ଜିତିଛି | ହାରିଛି | ପଏଣ୍ଟ | ରନହାର |
|---|---|---|---|---|---|
| ସୁପର କିଙ୍ଗ୍ସ | ୮ | ୭ | ୧ | ୧୪ | +୦.୨୮୮ |
| ନାଇଟ ରାଇଡର୍ସ | ୮ | ୪ | ୪ | ୮ | +୦.୩୫୦ |
| ମୁମ୍ବାଇ ଇଣ୍ଡିଆନ୍ସ | ୭ | ୪ | ୩ | ୮ | +୦.୨୦୯ |
| ଦିଲ୍ଲୀ କ୍ୟାପିଟାଲ୍ସ | ୭ | ୪ | ୩ | ୮ | ୦.୧୯୭ |
| କିଙ୍ଗ୍ସ ଇଲେଭେନ | ୮ | ୪ | ୪ | ୮ | -୦.୦୯୩ |
| ସନ୍‌ରାଇଜର୍ସ | ୬ | ୩ | ୩ | ୬ | ୦.୮୧୦ |
| ରାଜସ୍ଥାନ ରୟାଲ୍ସ | ୭ | ୨ | ୫ | ୪ | -୦.୫୮୭ |
| ରୟାଲ ଚ୍ୟାଲେଞ୍ଜର୍ସ | ୭ | ୧ | ୬ | ୨ | -୧.୨୦୨ |

# ବାଙ୍ଗାଲୋରର ପ୍ରଥମ ବିଜୟ

**ମୋହାଲି, ୧୪।୪**

କ୍ରିସ୍ ଗେଲ୍‌ଙ୍କ ଅପରାଜିତ ୯୯ରନ ସତ୍ତ୍ୱେ ଚଳିତ ଇଣ୍ଡିଆନ ପ୍ରିମିୟର ଲିଗ୍(ଆଇପିଏଲ)ରେ ରୟାଲ ଚ୍ୟାଲେଞ୍ଜର୍ସ ବାଙ୍ଗାଲୋର କ୍ରମାଗତ ୬ଟି ପରାଜୟ ପରେ ପ୍ରଥମ ବିଜୟ ହାସଲ କରିଛି। ସ୍ଥାନୀୟ ପଞ୍ଜାବ କ୍ରିକେଟ ଆସୋସିଏଶନ ଆଇଏସ୍ ବିନ୍ଦ୍ରା ଷ୍ଟାଡିୟମରେ ଶନିବାର ଖେଳାଯାଇଥିବା ମ୍ୟାଚରେ ଦଳ କିଙ୍ଗ୍ସ ଇଲେଭେନ ପଞ୍ଜାବକୁ ୮ ଉଇକେଟରେ ପରାସ୍ତ କରିଛି। ଅଧିନାୟକ ବିରାଟ କୋହଲି ଓ ଏବି ଡି'ଭିଲର୍ସଙ୍କ ଆକର୍ଷଣୀୟ ଅର୍ଦ୍ଧଶତକ ସହାୟତାରେ ବାଙ୍ଗାଲୋର ଦଳ ୧୭୪ ରନର ବିଜୟ ଲକ୍ଷ୍ୟକୁ ୧୯.୨ ଓଭରରେ ୨ ଉଇକେଟ ବିନିମୟରେ ହାସଲ କରିନେଇଥିଲା। କୋହଲି ୫୩ ବଲ୍‌ରେ ୮ ଚୌକା ସହ ୬୭ ରନ କରିଥିବାବେଳେ ଡି'ଭିଲର୍ସ ୩୮ ବଲ୍‌ରେ ୫ ଚୌକା ଓ ୨ ଛକା ସହାୟତାରେ ୫୯ ରନ କରି ଅପରାଜିତ ରହିଥିଲେ। ପାର୍ଥିବ ପଟେଲ ୧୯ ରନ କରିଥିବାବେଳେ ମାର୍କସ ଷ୍ଟୋଇନିସ ୨୮ ରନ କରି ଅପରାଜିତ ରହିଥିଲେ। ପଞ୍ଜାବ ଦଳ ପକ୍ଷରୁ ମହମ୍ମଦ ସାମି ଓ ରବିଚନ୍ଦ୍ରନ ଅଶ୍ୱିନ ଗୋଟିଏ ଲେଖାଏଁ ଉଇକେଟ ନେଇଥିଲେ।

### ଗେଲ୍ ଶତକରୁ ବଞ୍ଚିତ

ପୂର୍ବରୁ ପ୍ରଥମେ ବ୍ୟାଟିଂ କରିଥିବା ପଞ୍ଜାବ ତରଫରୁ ଅଭିଜ୍ଞ ଓପନର କ୍ରିସ୍ ଗେଲ ୯୯ ରନର ବିସ୍ଫୋରକ ଇନିଂସ ଖେଳି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିଥିଲେ। ସେ ୬୪ଟି ବଲର ସମ୍ମୁଖୀନ ହୋଇ ୧୦ ଚୌକା ଓ ୫ ଛକା ମାରି ଘରୋଇ ଦର୍ଶକଙ୍କ ମନୋରଞ୍ଜନ କରିଥିଲେ ମଧ୍ୟ ୧ ରନ ପାଇଁ ଶତକ ହାସଲରୁ ବଞ୍ଚିତ ହୋଇଥିଲେ। ଅନ୍ୟତମ ଓପନର ଲୋକେଶ ରାହୁଲ ୧୮ରନ (୧୫ ବଲ, ୨ଚୌକା, ୧ଛକା) କରି ୟୁଜବେନ୍ଦ୍ର ଚହଲଙ୍କ ଦ୍ୱାରା ଆଉଟ ହୋଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ମୟଙ୍କ ଅଗ୍ରୱାଲ ୧୫, ସର୍ଫରାଜ ଖାଁ ୧୫, ସାମ କୁରାନ ୧ ରନ କରି ଯଥାକ୍ରମେ ଚହଲ, ମହମ୍ମଦ ସିରାଜ ଓ ମୋଇନ ଅଲିଙ୍କ ଦ୍ୱାରା ଆଉଟ ହୋଇଥିଲେ। ମନଦୀପ ସିଂ ୧୬ ବଲରୁ ୧୮ ରନ କରି ଅପରାଜିତ ରହିଥିଲେ।

# ବିଜୟ ବଜାୟ ଲକ୍ଷ୍ୟରେ ରୟାଲ ଚ୍ୟାଲେଞ୍ଜର୍ସ

**ମୁମ୍ବାଇ, ୧୪।୪(ପି.ଟି.)**

ଆଇପିଏଲ୍ ଦ୍ୱାଦଶ ସଂସ୍କରଣ ୩୧ତମ ମ୍ୟାଚ୍‌ରେ ସୋମବାର ଘରୋଇ ମୁମ୍ବାଇ ଇଣ୍ଡିଆନ୍ସ ଓ ରୟାଲ ଚ୍ୟାଲେଞ୍ଜର୍ସ ବାଙ୍ଗାଲୋର (ଆର୍‌ସିବି) ପରସ୍ପରକୁ ଭେଟିବେ। ଏହି ହାଇଭୋଲଟେଜ୍ ମ୍ୟାଚ୍ ସ୍ଥାନୀୟ ୱାଙ୍ଖେଡେ ଷ୍ଟାଡିୟମରେ ଖେଳାଯିବ। ଭାରତୀୟ ଦଳର ଅଧିନାୟକ ବିରାଟ କୋହଲି ଓ ଉପଅଧିନାୟକ ରୋହିତ୍ ଶର୍ମା ଯଥାକ୍ରମେ ବାଙ୍ଗାଲୋର ଓ

**ଡେଲ୍ ଷ୍ଟେଇନ୍‌ଙ୍କ ଉପରେ ନଜର**

ମୁମ୍ବାଇର ନେତୃତ୍ୱ ନେଉଥିବାରୁ ଏଠାରେ ଦର୍ଶକେ ଏକ ରୋମାଞ୍ଚକ ଲଢ଼େଇ ଆଶା ରଖିଛନ୍ତି।

ଚଳିତ ଟୁର୍ନାମେଣ୍ଟରେ ନୈରାଶ୍ୟଜନକ ଆରମ୍ଭ କରି ବାଙ୍ଗାଲୋର ଏହାର ପ୍ରଥମ ୬ ମ୍ୟାଚ୍‌ରେ ପରାଜୟ ସାମ୍ନା କରିଥିଲା। କିନ୍ତୁ ଶନିବାର ରାତିରେ କିଙ୍ଗ୍ସ ଇଲେଭନ ପଞ୍ଜାବକୁ ୮ ଉଇକେଟ୍‌ର ବୃହତ ବ୍ୟବଧାନରେ ପରାସ୍ତ କରି ରୟାଲ ଚ୍ୟାଲେଞ୍ଜର୍ସ ସିଜନରେ ଏହାର ପ୍ରଥମ ବିଜୟ ସ୍ୱାଦ ଚାଖିଥିଲା। ଅଧିନାୟକ ବିରାଟ କୋହଲି ଓ ବିସ୍ଫୋରକ ବ୍ୟାଟ୍ସମ୍ୟାନ ଏବି ଡି ଭିଲର୍ସ ଏହି ମ୍ୟାଚ୍‌ରେ



ରୋହିତ ଶର୍ମା ଓ ବିରାଟ କୋହଲି ।

ଅର୍ଦ୍ଧଶତକୀୟ ଇନିଂସ ଖେଳି ଦଳକୁ ଜିତାଇବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ। ପଞ୍ଜାବ ବିପକ୍ଷ ବିଜୟ ସତ୍ତ୍ୱେ ବାଙ୍ଗାଲୋର ୮ ଦଳୀୟ ପଏଣ୍ଟ ତାଲିକାର ସର୍ବନିମ୍ନ ସ୍ଥାନରେ ରହିଛି। ପ୍ଲେ-ଅଫ୍ ଆଶା ଉଜ୍ଜିବୀତ ରଖିବାକୁ ହେଲେ ଦଳ ବଳକା ଲିଗ୍ ମ୍ୟାଚ୍‌ରେ ନିଶ୍ଚିତ ବିଜୟ ଆବଶ୍ୟକ କରୁଛି। ତେଣୁ ଏହି ମ୍ୟାଚ୍‌ରେ ମୁମ୍ବାଇକୁ ପରାସ୍ତ କରି ବିଜୟ ବଜାୟ ରଖିବା ଲକ୍ଷ୍ୟରେ ବାଙ୍ଗାଲୋର ରହିଛି। ଅଧିନାୟକ କୋହଲି ବର୍ତ୍ତମାନ ସୁଦ୍ଧା ୭ ମ୍ୟାଚ୍‌ରୁ ୨୭୦ ଓ ଡି ଭିଲର୍ସ ୨୩୨ ରନ ସଂଗ୍ରହ କରିସାରିଛନ୍ତି। ଏହି ମ୍ୟାଚ୍‌ରେ ମଧ୍ୟ ଦଳ ଉଭୟଙ୍କ ବ୍ୟାଟିଂ ଉପରେ ନିର୍ଭର କରିବ। ସେହିଭଳି ୱାଙ୍ଖେଡେ ପିଚ୍ ସାଧାରଣତଃ ସ୍ପିନରଙ୍କୁ ସୁହାଉଥିବାରୁ ଏହି ମ୍ୟାଚ୍‌ରେ ମୁମ୍ବାଇର ଦୃଢ଼ ବ୍ୟାଟିଂଲାଇନ୍ ବିପକ୍ଷରେ ୟେଜୁବେନ୍ଦ୍ର ଚହଲ ମଧ୍ୟ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଇବେ। ଦକ୍ଷିଣ ଆଫ୍ରିକାର ଅଭିଜ୍ଞ ଦ୍ରୁତ ବୋଲର ଡେଲ୍ ଷ୍ଟେଇନ୍ ଚଳିତ ଆଇପିଏଲ୍ ଖେଳିବାକୁ ପହଞ୍ଚି ସାରିଥିବରୁ ବାଙ୍ଗାଲୋରର ବୋଲିଂ ଲାଇନ୍‌ଅପ୍ ଆହୁରି ଶକ୍ତିଶାଳୀ ହେବ ବୋଲି ଆଶା କରାଯାଉଛି।

ଅପରପକ୍ଷରେ ମୁମ୍ବାଇ ଏହାର ଅନ୍ତିମ ମ୍ୟାଚ୍‌ରେ ରାଜସ୍ଥାନ ରୟାଲ୍ସଠାରୁ ୪ ଉଇକେଟ୍‌ରେ ପରାସ୍ତ ହୋଇଥିଲା। ତେଣୁ ଘରୋଇ ଗ୍ରାଉଣ୍ଡରେ ଖେଳାଯିବାକୁ ଥିବା ଏହି ମ୍ୟାଚ୍‌ରେ ରୟାଲ ଚ୍ୟାଲେଞ୍ଜର୍ସଙ୍କୁ ପରାସ୍ତ କରି ମୁମ୍ବାଇ ବିଜୟ ଧାରାକୁ ଫେରିବାକୁ ଲକ୍ଷ୍ୟ ରଖିଛି। ଆହତ ଲାଗି ରାଜସ୍ଥାନ ବିପକ୍ଷରେ ଖେଳିପାରି ନ ଥିବା ଅଧିନାୟକ ରୋହିତ୍ ଶର୍ମା ଏହି ମ୍ୟାଚ୍ ଲାଗି ଫିଟ୍ ଘୋଷିତ ହୋଇଛନ୍ତି। ରୋହିତ୍ ଚଳିତ ସିଜନରେ ୧୬୫ ରନ କରିଥିବାବେଳେ କ୍ୱିଣ୍ଟନ ଡି କକ୍ (୨୩୮), ଇଶାନ କିଷାନ, ସୂର୍ଯ୍ୟକୁମାର ଯାଦବ (୧୫୪), କିରନ ପୋଲାର୍ଡ (୧୮୫) ପ୍ରମୁଖ ମଧ୍ୟ ଉଲ୍ଲେଖନୀୟ ବ୍ୟାଟିଂ କରିଛନ୍ତି। ତେଣୁ ଏଠାରେ ଏକ ସଂଘର୍ଷପୂର୍ଣ୍ଣ ମ୍ୟାଚ୍ ଦେଖିବାକୁ ମିଳିବ ବୋଲି ଆଶା କରାଯାଉଛି।

■ ଏସିଆନ ଆଥଲେଟିକ୍ ଚାମ୍ପିୟନଶିପ୍

# ଦୂତୀଙ୍କ ପ୍ରଦର୍ଶନ ବଳରେ ରିଲେ ଦଳର ଯୋଗ୍ୟତା

**ପଟିଆଲା, ୧୪।୪(ପି.ଟି.)**

ଓଡ଼ିଆ ତାରକା ମହିଳା ସ୍ପ୍ରିଣ୍ଟର ଦୂତୀ ଚାନ୍ଦଙ୍କ ଦମ୍‌ଦାର ପ୍ରଦର୍ଶନ ବଳରେ ଭାରତୀୟ ୪x ୧୦୦ ରିଲେ ଦଳ ଦୋହାରେ ଆୟୋଜନ ହେବାକୁ ଥିବା ଏସିଆନ୍ ଆଥଲେଟିକ୍ ଚାମ୍ପିୟନଶିପ୍ ପାଇଁ ଯୋଗ୍ୟତା ହାସଲ କରିଛି। ଏହି ମେଗା ଇଭେଣ୍ଟ ପାଇଁ ଆଥଲେଟିକ୍ ଫେଡେରେଶନ ଅଫ୍ ଇଣ୍ଡିଆ (ଏଏଫ୍‌ଆଇ) ଏକ ୫୧ ଜଣିଆ ଭାରତୀୟ ଦଳ ଘୋଷଣା କରିଛି। ଦୋହାରେ ଏହି ଇଭେଣ୍ଟ ଏପ୍ରିଲ ୨୧ରୁ ଆରମ୍ଭ ହୋଇ ୨୪ ତାରିଖ ପର୍ଯ୍ୟନ୍ତ ଚାଲିବ।

ସ୍ଥାନୀୟ ନ୍ୟାଶନାଲ ଇନ୍‌ଷ୍ଟିଚ୍ୟୁଟ ଅଫ୍ ସ୍ପୋର୍ଟ୍ସ (ଏନ୍‌ଆଇଏସ)ରେ ଶନିବାର ଅନୁଷ୍ଠିତ ଟ୍ରାଏଲରେ ଦୂତୀ, ହିନା, ଅର୍ଚ୍ଚନା ସୁସିନ୍ଦ୍ରନ ଓ କେ ରଙ୍ଗାଙ୍କୁ ନେଇ ଗଠିତ ମହିଳା ୧୦୦ ମିଟର ରିଲେ ଟିମ୍ ୪୪.୧୨ ସେକେଣ୍ଡ ସମୟ ନେଇଥିଲେ। ତେବେ ଏଏଫ୍‌ଆଇ ଷ୍ଟାଣ୍ଡାର୍ଡ ୪୪.୫୦ ରହିଥିବା ବେଳେ ଏହି ରିଲେ ଦଳ ଅପେକ୍ଷାକୃତ କମ୍ ସମୟ ନେଇ ଯୋଗ୍ୟତା ହାସଲ କରିଛି। ମହିଳା ରିଲେ ଦଳ ଓ ୮୦୦ ମିଟରରେ କେ. ଗୋମଥୀ କ୍ୱାଲିଫାଇଂ ଷ୍ଟାଣ୍ଡାର୍ଡ କ୍ରସ କରିଥିଲେ। ଅଧିକାଂଶ ରନର କ୍ୱାଲିଫାଇଂ ଷ୍ଟାଣ୍ଡାର୍ଡ କ୍ରସ୍ କରିବାରେ ବିଫଳ ହୋଇଥିଲେ।



ଦୂତୀ ଚାନ୍ଦ

ଧରିତ୍ରୀ
DHARITRI
ଭୁବନେଶ୍ୱର, ସୋମବାର, ୧୫ ଏପ୍ରିଲ, ୨୦୧୯



"ଏବି ଡି'ଭିଲର୍ସଙ୍କ ସହିତ ପାର୍ଟନର ହୋଇ ବ୍ୟାଟିଂ ବେଳେ ଚାପରେ ଥିଲେ ମଧ୍ୟ ମୁଁ ନିଜକୁ ସହଜ ଅନୁଭବ କରିଥାଏ।
-ମାର୍କସ ଷ୍ଟୋଇନିସ, ରୟାଲ ଚ୍ୟାଲେଞ୍ଜର୍ସ ବାଙ୍ଗାଲୋର ଅଲରାଉଣ୍ଡର



"ଆଇପିଏଲରେ କ୍ରମାଗତ ୬ଟି ପରାଜୟ ପରେ କିଙ୍ଗ୍ସ ଇଲେଭେନ ପଞ୍ଜାବ ବିପକ୍ଷରେ ୮ ଉଇକେଟ ବିଜୟର ସ୍ୱାଦ ଅବର୍ଣ୍ଣନୀୟ।
-ବିରାଟ କୋହଲି, ରୟାଲ ଚ୍ୟାଲେଞ୍ଜର୍ସ ବାଙ୍ଗାଲୋର, ଅଧିନାୟକ



## ସଂକ୍ଷେପରେ

### ସନ୍ତୋଷ ଟ୍ରଫି ଫାଇନାଲ ରାଉଣ୍ଡ: ଓଡ଼ିଶା ବିଦା

**କଟକ ଅଫିସ,୧୪।୪:** ପଞ୍ଜାବର ଲୁଧିଆନାସ୍ଥିତ ଗୁରୁନାନକ ଷ୍ଟାଡିୟମରେ ଚାଲିଥିବା ୭୩ତମ ଜାତୀୟ ସିନିୟର ପୁରୁଷ ଫୁଟବଲ ଚାମ୍ପିୟନଶିପ ସନ୍ତୋଷ ଟ୍ରଫିର ଫାଇନାଲ ରାଉଣ୍ଡରୁ ଓଡ଼ିଶା ବିଦା ହୋଇଛି । ପ୍ରତିଯୋଗିତାର ପ୍ରଥମ ୩ଟି ଯାକ ମ୍ୟାଚ୍‌ରେ ଓଡ଼ିଶା ପରାଜିତ ହୋଇଛି । ରବିବାର ମ୍ୟାଚ୍‌ରେ ଦଳ ୧-୨ ଗୋଲରେ ଗୋଆଠାରୁ ହାରିଛି। ପୂର୍ବରୁ ୨-୩ ଗୋଲରେ ମେଘାଳୟଠାରୁ ଓ ୦-୨ ଗୋଲରେ ସର୍ଭିସେସ ଠାରୁ ପରାସ୍ତ ହୋଇଥିଲା । ୧୬ ତାରିଖରେ ଦିଲ୍ଲୀ ବିପକ୍ଷରେ ସୌଜନ୍ୟମୂଳକ ଭାବେ ଅନ୍ତିମ ଫାଇନାଲ ରାଉଣ୍ଡ ମ୍ୟାଚ୍ ଖେଳିବ। ପ୍ରଥମାର୍ଦ୍ଧରେ ଗୋଆ ପକ୍ଷରୁ ୨ଟି ଗୋଲ ସ୍କୋର ହୋଇଥିଲା । ୧୪ତମ ମିନିଟରେ ଜସେଲ କାର୍ନିରିଓ ଓ ୧୭ତମ ମିନିଟରେ ସାର୍ନିଓ ଫର୍ନାଡେସ ଗୋଟିଏ ଲେଖାଏ ଗୋଲ ଦେଇଥିଲେ । ଦ୍ୱିତୀୟାର୍ଦ୍ଧର ୮୭ତମ ମିନିଟରେ ଓଡ଼ିଶା ଗୋଟିଏ ଗୋଲ ସୁଝିବାକୁ ସକ୍ଷମ ହୋଇଥିଲା । ଅରବିନ ଲାକ୍ରା ଉକ୍ତ ଗୋଲ ସ୍କୋର କରିଥିଲେ । ପରବର୍ତ୍ତୀ ସମୟରେ କୌଣସି ଗୋଲ ନ ହେବା ଯୋଗୁ ଓଡ଼ିଶା ପରାଜୟ ବରଣ କରିଛି ।

### କ୍ରିକେଟ ଦଳ ଚୟନ ପ୍ରକ୍ରିୟାକୁ କୋର୍ଟରେ ଚ୍ୟାଲେଞ୍ଜ

**ନୂଆଦିଲ୍ଲୀ, ୧୪।୪ (ପି.ଟି.):** ଜୋନାଲ ଓ ଜାତୀୟସ୍ତର ଟୁର୍ନାମେଣ୍ଟ ପାଇଁ ଦିଲ୍ଲୀ ଓ ଜିଲା କ୍ରିକେଟ ଆସୋସିଏଶନ (ଡିଡିସିଏ) ପକ୍ଷରୁ ୧୫ ଜଣିଆ ଦଳ ଘୋଷଣା କରାଯାଇଛି। ମାତ୍ର ଚୟନ ପକ୍ରିୟାକୁ ଦିଲ୍ଲୀ ହାଇକୋର୍ଟରେ ଚ୍ୟାଲେଞ୍ଜ କରାଯାଇଛି। ଖେଳାଳି ଚୟନ ବେଳେ ବେନିୟମ କାର୍ଯ୍ୟ ହୋଇଛି ବୋଲି ଆବେଦନକାରୀ ଅରୁଣ ହାମରୋଲ ଦର୍ଶାଇଛନ୍ତି ଦଳ ମନୋନୟନ ପାଇଁ ଡିଡିସିଏର କ୍ରିକେଟ କମିଟି ୩ ଜଣିଆ ସିଲେକ୍ସନ କମିଟି ଗଠନ କରିଥିଲା। ଟ୍ରାଏଲରେ ଭାଗ ନେବା ଲାଗି ୨୦୧୮ ଅକ୍ଟୋବର ୧ ଏବଂ ୨୦୧୮ ଅକ୍ଟୋବର ୫ ମଧ୍ୟରେ ୩ଟି ପୃଥକ୍ ପୃଥକ୍ ଦିବସରେ ବହୁସଂଖ୍ୟାରେ ଯୁବ ଖେଳାଳିଙ୍କୁ ଡକାଯାଇଥିଲା। ପ୍ରତ୍ୟେକଙ୍କୁ ସେମାନଙ୍କ ଦକ୍ଷତା ଓ ସାମର୍ଥ୍ୟ ପ୍ରତିପାଦନ କରିବା ଲାଗି ମାତ୍ର ଏକ ମିନିଟ ସମୟ ଦିଆଯାଇଥିଲା। ସିଲେକ୍ସନ କମିଟି ଅକ୍ଟୋବର ୧୬ରେ ୧୫ଜଣିଆ ଚୂଡ଼ାନ୍ତ ତାଲିକା ପ୍ରକାଶ କରିଥିଲା। ଆବେଦନକାରୀ ଜଣକ ସିଲେକ୍ସନକୁ ରଦ୍ଦ କରିବା ସହ ନିରପେକ୍ଷତା ଓ ସ୍ୱଚ୍ଛତା ଭିତ୍ତିରେ ସାନି ଦଳ ମନୋନୟନ ଲାଗି ନିର୍ଦ୍ଦେଶ ପାଇ କୋର୍ଟଙ୍କୁ ନିବେଦନ କରିଛନ୍ତି।

■ ଭାରତୀୟ ଦଳ ଚୟନ ଆଜି

# ଟିମ୍ କମ୍ବିନେଶନକୁ ଗୁରୁତ୍ୱ

**ନୂଆଦିଲ୍ଲୀ, ୧୪।୪(ପି.ଟି.)**

ଆଇସିସି କ୍ରିକେଟ ବିଶ୍ୱକପ ଦ୍ୱାଦଶ ସଂସ୍କରଣ ଇଂଲଣ୍ଡରେ ମେ ୩୦ରୁ ଜୁଲାଇ ୧୪ ପର୍ଯ୍ୟନ୍ତ ଅନୁଷ୍ଠିତ ହେବ। ଏହି କ୍ରିକେଟ ମହାକୁମ୍ଭ ପାଇଁ ଭାରତୀୟ ଦଳ ଚୟନ ସୋମବାର ମୁମ୍ବାଇରେ ଅନୁଷ୍ଠିତ ହେବ। ବିଭିନ୍ନ ସ୍ଥାନ ପାଇଁ ପ୍ରାୟତଃ ଖେଳାଳି ଚୂଡ଼ାନ୍ତ ହୋଇ ସାରିଛି। ତେବେ ଦ୍ୱିତୀୟ ଉଇକେଟ କିପର, ୪ ନମ୍ବର ବ୍ୟାଟ୍ସମ୍ୟାନ ଏବଂ ଜଣେ ଅତିରିକ୍ତ ପେସର ସମ୍ପର୍କରେ ବିଶେଷ କରି ଚୟନ କମିଟି ବୈଠକରେ ଆଲୋଚନା ହେବ। ଅନ୍ୟପକ୍ଷରେ କେବଳ ଗୋଟିଏ ସ୍ଥାନ ପୂରଣ ହେବାକୁ ବାକି ରହିଛି ବୋଲି ଗତ ଅଷ୍ଟ୍ରେଲିଆ ବିପକ୍ଷ ସିରିଜପରେ ଅଧିନାୟକ ବିରାଟ କୋହଲି ସୂଚନା ଦେଇଥିଲେ। କୋର୍ ଖେଳାଳି ଏକବର୍ଷ ପୂର୍ବରୁ ସେଟ୍ ହୋଇ ସାରିଛନ୍ତି ବୋଲି ସେ କହିଥିଲେ। ଚୟନ କମିଟି ବୈଠକରେ ଟିମ୍ କମ୍ବିନେଶନକୁ ଅଗ୍ରାଧିକାର ଦିଆଯିବ।

ମହେନ୍ଦ୍ର ସିଂ ଧୋନୀଙ୍କ ପରେ ଦ୍ୱିତୀୟ ଉଇକେଟ କିପର ସ୍ଥାନ ପାଇଁ ଯୁବ ଖେଳାଳି ରିଷଭ ପନ୍ତ ଏବଂ ଅଭିଜ୍ଞ ଦୀନେଶ କାର୍ତ୍ତିକ ଦୃଢ଼ ଦାବିଦାର। ଚଳିତ ଇଣ୍ଡିଆନ ପ୍ରିମିୟର ଲିଗ୍‌ରେ ପନ୍ତଙ୍କ ୨୨୨ ରନ ତୁଳନାରେ କାର୍ତ୍ତିକ ୯୩ ରନ ସ୍କୋର କରିଛନ୍ତି। ତେଣୁ ଏହି ଦୃଷ୍ଟିରୁ ଦେଖିବାକୁ ଗଲେ ପନ୍ତ ଦୌଡ଼ରେ ଆଗରେ ରହିଛନ୍ତି। ପନ୍ତ ଜଣେ ବାମହାତୀ ବ୍ୟାଟ୍ସମ୍ୟାନ, ଉଇକେଟ କିପର ଏବଂ ନମ୍ବର ୧ରୁ ଆରମ୍ଭକରି ୭ମ ସ୍ଥାନ ପର୍ଯ୍ୟନ୍ତ ବ୍ୟାଟିଂ କରିବାର ଦକ୍ଷତା ରଖିଛନ୍ତି। ସ୍ପିନରଙ୍କ ବିପକ୍ଷରେ ପନ୍ତଙ୍କ ଉଇକେଟ କିପିଂ ଦକ୍ଷତାରେ ଉନ୍ନତି ଆବଶ୍ୟକ, ମାତ୍ର କାର୍ତ୍ତିକ ମଧ୍ୟ ଗତ ୧୨ ମାସ ମଧ୍ୟରେ ଏପରି କିଛି କରିନାହାନ୍ତି ଯାହାକି ପନ୍ତଙ୍କ ତୁଳନାରେ ତାଙ୍କୁ ଆଗରେ ରଖି ପାରିବ। ତେବେ ଆଇପିଏଲ ଫ୍ରାଞ୍ଚାଇଜ୍ କୋଚ୍ ଦିଲ୍ଲୀ କ୍ୟାପିଟାଲ୍ସର ରିକି ପଣ୍ଟିଂ ପନ୍ତଙ୍କ ସପକ୍ଷରେ ଯୁକ୍ତି ବାଢ଼ିଥିବାବେଳେ ଦୀନେଶ କାର୍ତ୍ତିକ ହିଁ ଉପଯୁକ୍ତ ଖେଳାଳି ବୋଲି କୋଲକାତା

ICC CRICKET WORLD CUP
ENGLAND & WALES
2019

ନାଇଟ ରାଇଡର୍ସର ଜ୍ୟାକ୍ସ କାଲିସ କହିଛନ୍ତି। ଦୌଡ଼ରେ ଏହି ଦୁଇ ଖେଳାଳି ରହିଥିବାବେଳେ ତୃତୀୟ ଖେଳାଳି ଭାବେ ଏଥିରେ ସାମିଲ ହୋଇଛନ୍ତି ଲୋକେଶ ରାହୁଲ। ରାହୁଲ କିଙ୍ଗ୍ସ ଇଲେଭେନ ପଞ୍ଜାବ ପକ୍ଷରୁ ଉଇକେଟ କିପିଂ ଜାରି ରଖିଥିବାବେଳେ ବ୍ୟାଟିଂରେ ୩୩୫ ରନ ସ୍କୋର କରି ସାରିଛନ୍ତି। ଏହା ମଧ୍ୟରେ ଏକ ଶତକ ସାମିଲ। ତେଣୁ ଭାରତୀୟ ଦଳ ପାଇଁ ତୃତୀୟ ଓପନର ଏବଂ ଦ୍ୱିତୀୟ ଉଇକେଟ କିପର ସମ୍ପର୍କରେ ଆଲୋଚନା ବେଳେ ଚୟନକର୍ତ୍ତାମାନେ ରାହୁଲଙ୍କ ନାମକୁ ମଧ୍ୟ ବିଚାରକୁ ନେଇପାରନ୍ତି।

"ଧୋନୀ ଆହତ ହେଲେ ଯାଇ ଦ୍ୱିତୀୟ ଉଇକେଟ କିପରଙ୍କ ଖେଳିବା ସମ୍ଭାବନା ରହିବ। ରିଷଭ ପ୍ରଚଣ୍ଡ ପ୍ରତିଭାର ଅଧିକାରୀ, ମାତ୍ର ଏକଦିବସୀୟ କ୍ରିକେଟରେ ସେ ସେପରି କିଛି କରିସ୍ଥା



ରିଷଭ ପନ୍ତ



ଦୀନେଶ କାର୍ତ୍ତିକ

ଦେଖାଇ ପାରି ନାହାନ୍ତି। ସେ ୫୦ ଓଭର ପର୍ଯ୍ୟନ୍ତ ନିଜ ଦାୟିତ୍ୱକୁ ଠିକ୍‌ଭାବେ ତୁଲାଇ ପାରିବେ କି ନାହିଁ ତାହାକୁ ନେଇ ପ୍ରଶ୍ନ ରହିଛି'' ବୋଲି ପୂର୍ବରୁ ଚୟନ କମିଟି ସଦସ୍ୟଥିବା ଜଣେ ପୂର୍ବତନ ଭାରତୀୟ ଖେଳାଳି ପ୍ରକାଶ କରିଛନ୍ତି। ଯଦି ରାହୁଲଙ୍କ ନାମ ଦ୍ୱିତୀୟ ଉଇକେଟ କିପର ଭାବେ ନିଆଯାଏ ତେବେ ୪ ନମ୍ବର ସ୍ଥାନରେ ସ୍ପେଶାଲିଷ୍ଟ ବ୍ୟାଟ୍ସମ୍ୟାନ ଭାବେ ଅମ୍ବାତି ରାୟୁଡୁଙ୍କ ନାମ ଆସିବ। ଗତ ନଭେମ୍ବର ପର୍ଯ୍ୟନ୍ତ ରାୟୁଡୁ ୪ ନମ୍ବର ସ୍ଥାନ ପାଇଁ ହଟ୍ ଫେଭରାଇଟ ଥିଲେ। କୋହଲି ଓ କୋଚ୍ ରବି ଶାସ୍ତ୍ରୀ ମଧ୍ୟ ଏହା ଏକପ୍ରକାର ସ୍ଥିର କରି ସାରିଥିଲେ। ମାତ୍ର ଏହି ହାଇଦ୍ରାବାଦ ବ୍ୟାଟ୍ସମ୍ୟାନ ଲମ୍ବା ସମୟ ପାଇଁ ଘରୋଇ କ୍ରିକେଟ ନ ଖେଳିବାକୁ ନିଷ୍ପତ୍ତି ନେବା ଏବଂ ପେସ୍ ବୋଲରଙ୍କ ବିପକ୍ଷରେ ଦୁର୍ବଳ ଟେକ୍ନିକ୍ ତାଙ୍କୁ ଝୁଲାଇ ରଖିଛି। ତେବେ ଯଦି ଚୟନକର୍ତ୍ତାମାନେ ଅଲରାଉଣ୍ଡର ବିଜୟ ଶଙ୍କରଙ୍କୁ ୪ ନମ୍ବର ସ୍ଲଟ୍ ପାଇଁ ମନୋନୟନ କରନ୍ତି ତେବେ ରାୟୁଡୁଙ୍କ ସମ୍ପର୍କରେ ଆଲୋଚନାର ଯବନୀକା ପଡ଼ିବ।

ଇଂଲଣ୍ଡର ଜଳବାୟୁ ଅସ୍ଥିର ରହୁଥିବାରୁ ବିଶେଷ କରି ବର୍ମିଂହାମ, ଲିଡ୍ସ ଓ ମାଞ୍ଚେଷ୍ଟର ଭେନ୍ୟୁକୁ ଦୃଷ୍ଟିରେ ରଖି ଭାରତକୁ ୪ର୍ଥ ସ୍ପେଶାଲିଷ୍ଟ ପେସ୍ ବୋଲର କଥା ଚିନ୍ତା କରିବାକୁ ପଡ଼ିପାରେ। ''ବିଜୟ ଶଙ୍କର ଏବଂ ହାର୍ଦ୍ଦିକ ପାଣ୍ଡ୍ୟାଙ୍କୁ ବର୍ତ୍ତମାନ ୪ର୍ଥ ପେସର ଭାବେ ବିବେଚନା କରାଯାଉଛି। ଅନ୍ୟପକ୍ଷରେ ରବୀନ୍ଦ୍ର ଜାଡେଜାଙ୍କ ଅଲରାଉଣ୍ଡ ଦକ୍ଷତା ଏବଂ ବିଗ୍ ହିଟିଂ ପାୱାର ଦଳ ପାଇଁ ଉପଯୋଗୀ ସାବ୍ୟସ୍ତ ହେବ ବୋଲି ଆଶା କରାଯାଉଛି। ଏହା ବ୍ୟତୀତ ଡ୍ରାଏ କଣ୍ଡିଶନରେ ସେ ବିକଳ୍ପ ବୋଲରର ଭୂମିକା ମଧ୍ୟ ନେବାର ଦକ୍ଷତା ରଖିଛନ୍ତି'' ବୋଲି ଏହି ସୂତ୍ରରୁ ପ୍ରକାଶ କରାଯାଇଛି। ତେବେ ଉମେଶ ଯାଦବଙ୍କ ପ୍ରଦର୍ଶନରେ ସ୍ଥିରତା ରହୁ ନ ଥିବାରୁ ୪ର୍ଥ ପେସର ସମ୍ଭାବନା ଅଧିକ ରହିବ। ଖଲିଲ ଅହମଦଙ୍କୁ ବାମହାତୀ ପେସର ବିକଳ୍ପ ବିବେଚନା କରାଯାଉଥିଲା। ମାତ୍ର ଟେଷ୍ଟିଂ ଟାଇମ୍‌ରେ ସେ ସେପରି ଭରସାଯୋଗ୍ୟ ହୋଇପାରି ନ ଥିଲେ। ଇଂଲଣ୍ଡରେ ଅତୀତ ରେକର୍ଡକୁ ଦେଖିଲେ ଈଶାନ୍ତ ଶର୍ମା, ନଭଦୀପ ସଇନି କିମ୍ବା ଭଲ ପାୱାର ପ୍ଲେ ବୋଲର ଦୀପକ ଚହରଙ୍କ ନାମ ବିଚାରକୁ ଆସିପାରେ। ଚୟନ କମିଟି ଏହାର ନୀତିରେ ଅଟଳ ରହିବ। ଏଥିରୁ ବିଚ୍ୟୁତ ହେବାର କୌଣସି କାରଣ ଦେଖିବାକୁ ମିଳୁନାହିଁ ବୋଲି ସେ କହିଛନ୍ତି।

**ସମ୍ଭାବ୍ୟ ଦଳ**

■ ବିରାଟ କୋହଲି (ଅଧିନାୟକ), ରୋହିତ ଶର୍ମା (ଉପ-ଅଧିନାୟକ), ଶିଖର ଧାୱନ, ଲୋକେଶ ରାହୁଲ, ମହେନ୍ଦ୍ର ସିଂ ଧୋନୀ (ଉଇକେଟ କିପର), କେଦାର ଯାଦବ, ହାର୍ଦ୍ଦିକ ପାଣ୍ଡ୍ୟା, ବିଜୟ ଶଙ୍କର, କୁଲଦୀପ ଯାଦବ, ଯୁଜବେନ୍ଦ୍ର ଚହଲ, ଯଶପ୍ରୀତ ବୁମ୍‌ରା, ଭୁବନେଶ୍ୱର କୁମାର, ମହମ୍ମଦ ସାମି, ରବୀନ୍ଦ୍ର ଜାଡେଜା।

■ ୧୫ତମ ସଦସ୍ୟ(ବିକଳ୍ପ) ଦ୍ୱିତୀୟ ଉଇକେଟ କିପର କ୍ଷେତ୍ରରେ: ଦୀନେଶ କାର୍ତ୍ତିକ/ରିଷଭ ପନ୍ତ।
ଚାରି ନମ୍ବର ସ୍ପେଶାଲିଷ୍ଟ ବ୍ୟାଟ୍ସମ୍ୟାନ : ଅମ୍ବାତି ରାୟୁଡୁ।
ଯଦି ୪ର୍ଥ ପେସର ନିଆଯାଏ: ଉମେଶ ଯାଦବ/ଖଲିଲ ଅହମଦ/ଈଶାନ୍ତ ଶର୍ମା/ନଭଦୀପ ସଇନି।

■ ପ୍ୟାରିସ ମାରାଥନ

### ବୁର୍କା, ମିଲ ଜିତିଲେ ଟାଇଟଲ



ଜିଲେଟ ବୁର୍କା

**ପ୍ୟାରିସ, ୧୪।୪ (ଏଏଫ୍‌ପି)**

ରବିବାର ଅନୁଷ୍ଠିତ ପ୍ୟାରିସ ମାରାଥନରେ ଇଥିଓପିଆ ଆଥଲେଟ ଉଭୟ ମହିଳା ଓ ପୁରୁଷ ଟାଇଟଲ ଜିତିଛନ୍ତି। ଆବ୍ରା ମିଲ ଦୁଇ ଥର ଚାମ୍ପିୟନ ପଲ୍ ଲନୟାନଗାଟାଙ୍କୁ ପଛରେ ପକାଇ ପୁରୁଷ ବିଭାଗ ରେସ୍ ଜିତିଛନ୍ତି। ମିଲ ୨ ଘଣ୍ଟା ୭ ମିନିଟ ଓ ୫ସେକେଣ୍ଡ ଟାଇମିଂରେ ରେସ୍ ଶେଷ କରିଥିଲେ। କେନିୟାର ତାଙ୍କ ପ୍ରତିଦ୍ୱନ୍ଦ୍ୱୀ ଲନୟାନଗାଟା ତୃତୀୟ ସ୍ଥାନରେ ରହିଥିଲେ। ନିର୍ମଳ ଆକାଶ ଓ ଥଣ୍ଡା ପରିବେଶରେ ଅନୁଷ୍ଠିତ ମାରାଥନରେ ମୋଟ ୪୯,୧୫୫ ଧାବକ ଭାଗ ନେଇଥିଲେ। ଇଥିଓପିଆର ଜିଲେଟ ବୁର୍କା ୨:୨୨:୪୮ ଟାଇମିଂରେ ମହିଳାମାନଙ୍କ ମଧ୍ୟରେ ପ୍ରଥମ ସ୍ଥାନ ଅଧିକାର କରିଥିଲେ। କ୍ଲେମାନ୍ସ କାଲଭିନ୍ ଫ୍ରାନ୍ସର ଏକମାତ୍ର ମହିଳା ଭାବେ ରେସ୍ ଶେଷ କରିବାରେ ସମର୍ଥ ହୋଇଥିଲେ। ଗତ ମାସରେ ମରକ୍କୋରେ ଡୋପ୍ ଟେଷ୍ଟକୁ ଏଡାଇଦେଇଥିବା ଅଭିଯୋଗରେ ସାମୟିକ ବାସନ୍ଦ ହୋଇଥିବା ଏହି ଧାବିକା ଫ୍ରେଞ୍ଚ ମହିଳା ରେକର୍ଡ ଭଙ୍ଗ କରିବାରେ ସମର୍ଥ ହୋଇଛନ୍ତି। କାଲଭିନ୍ ୨:୨୩:୪୧ ଟାଇମିଂରେ ଚତୁର୍ଥ ହୋଇଥିଲେ। ସେ ୪୧ ସେକେଣ୍ଡ ବ୍ୟବଧାନରେ ୨୦୧୦ରେ କ୍ରିଷ୍ଟିଲ ଡାଉନେଙ୍କ ଦ୍ୱାରା ପ୍ରତିଷ୍ଠିତ ଜାତୀୟ ରେକର୍ଡକୁ ଭଙ୍ଗ କରି ଦେଇଥିଲେ। ଏହା ଆହୁରି ମଧ୍ୟ ତାଙ୍କର ଶ୍ରେଷ୍ଠ ପ୍ରଦର୍ଶନ। ଗତବର୍ଷ ବର୍ଲିନଠାରେ ଅନୁଷ୍ଠିତ ୟୁରୋପିଆନ ଚାମ୍ପିୟନଶିପ୍‌ରେ ୨:୨୬:୨୮ ଟାଇମିଂ ତାଙ୍କର ଶ୍ରେଷ୍ଠ ପ୍ରଦର୍ଶନ ଥିଲା। ଏଥିରେ ସେ ଦ୍ୱିତୀୟ ହୋଇଥିଲେ।

### ଧୋନୀଙ୍କ କହିବା ଅନୁସାରେ ବୋଲିଂ କରିଥିଲି: ତାହିର

**କୋଲକାତା, ୧୪।୪ (ପି.ଟି.)**

ଅଧିନାୟକ ମହେନ୍ଦ୍ର ସିଂ ଧୋନୀଙ୍କ ଯୋଜନା ମୁତାବକ ବୋଲିଂ କରିବାରୁ ମୁଁ ସଫଳ ହେଲି ବୋଲି କହିଛନ୍ତି ଚେନ୍ନାଇ ସୁପର କିଙ୍ଗ୍ସ (ସିଏସ୍‌କେ)ବୋଲର ଇମ୍ରାନ ତାହିର। ଶନିବାର ଏଠାରେ ଅନୁଷ୍ଠିତ ଏକ ଆଇପିଏଲ ମ୍ୟାଚରେ ସିଏସ୍‌କେ ୫ ଉଇକେଟରେ କୋଲକାତା ନାଇଟ ରାଇଡର୍ସକୁ ହରାଇ ଦେଇଛି। ଦଳକୁ ଜିତାଇବାରେ ତାହିର ବିଶେଷ ଭୂମିକା ଗ୍ରହଣ କରିଥିଲେ। ସେ ୨୭ ରନ ବିନିମୟରେ ୪ ଉଇକେଟ ଅକ୍ତିଆର କରି ମ୍ୟାନ ଅଫ୍ ଦି ମ୍ୟାଚ ବିବେଚିତ ହୋଇଥିଲେ। ତାହିର କହିଛନ୍ତି ମୋତେ କେଉଁ ବ୍ୟାଟ୍ସମ୍ୟାନକୁ କିପରି ବଲ୍ ପକାଇବାକୁ ପଡ଼ିବ ଧୋନୀ ମୋତେ ପରାମର୍ଶ ଦେଇଥିଲେ।

## ହାମିଲଟନ ଜିତିଲେ ଚାଇନିଜ ଗ୍ରାଁ ପ୍ରି

**ସାଂଘାଇ, ୧୪।୪(ଏଏଫ୍‌ପି)**

ମର୍ସିଡିଜର ଲୁଇସ୍ ହାମିଲଟନ ଓ ତାଙ୍କ ଟିମ୍‌ମେଟ୍ ଭାଲେଟେରୀ ବୋଟାସ ଚାଇନିଜ ଫର୍ମୁଲାୱାନ ଗ୍ରାଁ ପ୍ରିରେ ଯଥାକ୍ରମେ ପ୍ରଥମ ଓ ଦ୍ୱିତୀୟ ସ୍ଥାନ ଅଧିକାର କରିଛନ୍ତି। ଫର୍ମୁଲା ୱାନର ଏହି ୧,୦୦୦ ତମ ରେସ୍‌ରେ ହାମିଲଟନ ଗ୍ରୀଡ୍‌ର ଦ୍ୱିତୀୟ ସ୍ଥାନରୁ ରେସ୍ ଆରମ୍ଭ କରିଥିଲେ। ଶନିବାର ପୋଲ ପୋଜିଶନ ହାସଲ କରିଥିବା ବୋଟାସଙ୍କଠାରୁ ସେ ୬.୫ ସେକେଣ୍ଡ ଆଗରେ ରହିଥିଲେ। ଫେରାରିର ସେବାଷ୍ଟିଆନ ଭେଟେଲ ତୃତୀୟ ହୋଇଥିବାବେଳେ ରେଡ୍‌ବୁଲ୍‌ର ମାକ୍ସ ଭର୍ଷ୍ଟାପେନ ଚତୁର୍ଥ ସ୍ଥାନ ଅଧିକାର କରିଥିଲେ। ୨୧ ବର୍ଷୀୟ ପ୍ରତିଭାସମ୍ପନ୍ନ ଫେରାରିର ଅନ୍ୟତମ ଡ୍ରାଇଭର ଚାର୍ଲସ ଲେକରେକ୍‌ଙ୍କୁ ୫ମ ସ୍ଥାନ ମିଳିଥିଲା। ଚାଇନିଜ ଗ୍ରାଁ ପ୍ରିରେ ବିଶ୍ୱ ଚାମ୍ପିୟନ ହାମିଲଟନଙ୍କ ଏହା ଥିଲା ୬ଷ୍ଠ ଚଳିତ ସିଜନରେ ଏହା ତାଙ୍କର କ୍ରମାଗତ ଦ୍ୱିତୀୟ ବିଜୟ। ଫର୍ମୁଲା ୱାନର ୧,୦୦୦ତମ ରେସ୍‌ରେ ମର୍ସିଡିଜ ଟିମ୍




ଚାଇନିଜ ଫର୍ମୁଲା ୱାନ୍ ଗ୍ରାଁ ପ୍ରି ପୁରସ୍କାର ବିତରଣ ଉତ୍ସବରେ ମର୍ସିଡିଜ ଡ୍ରାଇଭର ଲୁଇସ୍ ହାମିଲଟନ ଓ ଟିମ୍‌ମେଟ୍ ଭାଲଟେରି ବୋଟାସ ଟିମ୍ ଇଞ୍ଜିନିୟର ମାର୍କସ ଡଡ୍‌ଲିଙ୍କ ଉପରେ ସାମ୍ପେନ ଢାଳୁଛନ୍ତି। ଡାହାଣ ପାର୍ଶ୍ୱରେ ଫେରାରି ଡ୍ରାଇଭର ସେବାଷ୍ଟିଆନ ଭେଟେଲ ଏଥିରେ ସାମିଲ ହୋଇଛନ୍ତି।

ପ୍ରଥମ ଓ ଦ୍ୱିତୀୟ ସ୍ଥାନ ଅଧିକାର କରିବା ବାସ୍ତବିକ ସ୍ମରଣୀୟ ବୋଲି ରେସ୍ ପରେ ହାମିଲଟନ ପ୍ରକାଶ କରିଛନ୍ତି। ରବିବାର ରେସ୍‌ରେ ଯଥାକ୍ରମେ ୬ଷ୍ଠରୁ ୧୦ମ ସ୍ଥାନ ରହିଥିବା ଡ୍ରାଇଭରମାନେ ହେଲେ ପିଏରେ ଗାସ୍‌ଲି (ରେଡ୍‌ବୁଲ୍), ଡାନିଏଲ ରିକାର୍ଡୋ (ରେନଲ୍ଟ), ସର୍ଗିଓ ପେରେଜ (ରେସିଂ ପଏଣ୍ଟ), କିମି ରାଇକୋନେନ (ଆଲ୍‌ଫା ରୋମିଓ) ଓ ଆଲେକ୍‌ଜାଣ୍ଡର ଅଲବନ୍ (ଟୋରୋ ରୋସୋ)। ୧୫ ଦିନ ପରେ ସିଜନର ଚତୁର୍ଥ ରେସ୍ ଆଜରବୈଜାନର ବାକୁଠାରେ ହେବ।

## ସିରିଜ କବ୍‌ଜା କଲା ଜିମ୍ବାୱେ




ଶତକ ହାସଲକାରୀ ସିନ୍ ୱିଲିୟମ୍ସ।

**ହରାରେ, ୧୪।୪**

ଭ୍ରମଣକାରୀ ୟୁଏଇ ବିପକ୍ଷରେ ରବିବାର ଏଠାରେ ଖେଳାଯାଇଥିବା ୩ୟ ଦିନିକିଆ ମ୍ୟାଚ୍‌କୁ ଜିମ୍ବାୱେ ୧୩୧ ରନର ବୃହତ ବ୍ୟବଧାନରେ ଜିତିନେଇଛି। ଜିମ୍ବାୱେ ପକ୍ଷରୁ ଧାର୍ଯ୍ୟ ୩୦୮ ରନର ବିଶାଳ ଲକ୍ଷ୍ୟକୁ ପିଛା କରିଥିବା ୟୁଏଇ ୧୭୬ ରନରେ ଅଲ୍‌ଆଉଟ୍ ହୋଇ ପରାଜୟବରଣ କରିଥିଲା। ଏହି ବିଜୟ ସହ ୪ ମ୍ୟାଚ୍‌ବିଶିଷ୍ଟ ଦିନିକିଆ ସିରିଜକୁ ଜିମ୍ବାୱେ ୩-୦ରେ ଆଗୁଆ ଜିତିନେଇଛି। ପୂର୍ବରୁ ପ୍ରଥମ ଓ ୨ୟ ମ୍ୟାଚ୍‌କୁ ଘରୋଇ ଦଳ ଯଥାକ୍ରମେ ୭ ଉଇକେଟ୍ ଓ ୪ ରନ (ଡିଏଲ୍ ପଦ୍ଧତି)ରେ ଜିତିଥିଲା। ସିରିଜର ଅନ୍ତିମ ତଥା ୪ର୍ଥ ମ୍ୟାଚ୍ ଆସନ୍ତା ମଙ୍ଗଳବାର ଏଠାରେ ଖେଳାଯିବ।

ସ୍ଥାନୀୟ ହରାରେ ସ୍ପୋର୍ଟ୍ସ କ୍ଲବରେ ଟସ୍ ହାରି ପ୍ରଥମେ ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ଜିମ୍ବାୱେ ବ୍ୟାଟ୍ସମ୍ୟାନଙ୍କ ମିଳିତ ସଫଳତା ବଳରେ ନିର୍ଦ୍ଧାରିତ ୫୦ ଓଭରରେ ୪ ଉଇକେଟ୍ ବିନିମୟରେ ୩୦୭ ରନ କରିଥିଲା। ଦଳ ପକ୍ଷରୁ ଅଭିଜ୍ଞ ସିନ୍ ୱିଲିୟମ୍ସ ୮୪ ବଲରୁ ୧୦୯ ରନର ଇନିଂସ ଖେଳିଥିଲେ। ଅନ୍ୟମାନଙ୍କ ମଧ୍ୟରେ କ୍ରେଗ୍ ଇର୍ଭିନ (୬୪), ଅଧିନାୟକ ପିଟର ମୁର୍ (୫୮*) ଓ ଓପନର ସୋଲୋମୋନ ମିର (୪୦) ଉପଯୋଗୀ ବ୍ୟାଟିଂ କରିଥିଲେ। ଜବାବରେ ୟୁଏଇ ସିପି ରିଜୱାନଙ୍କ ୪୭ ଓ ମହମ୍ମଦ ଉସମାନଙ୍କ ୪୯ ରନ ସତ୍ତ୍ୱେ ୪୬.୨ ଓଭରରେ ସମସ୍ତ ଉଇକେଟ୍ ହରାଇ ୧୭୬ ରନ କରିବାକୁ ସକ୍ଷମ ହୋଇଥିଲା। ବିଜୟୀ ଦଳ ପକ୍ଷରୁ ଲେଗ୍-ସ୍ପିନର ର୍ୟାନ ବର୍ଲ ସର୍ବାଧିକ ୪ଟି ଉଇକେଟ୍ ନେଇଥିବାବେଳେ କେଲ୍ ଜାର୍ଭିସ ଓ ସିକନ୍ଦର ରାଜାଙ୍କୁ ୨ଟି ଲେଖାଏ ସଫଳତା ମିଳିଥିଲା।

**ସଂକ୍ଷିପ୍ତ ସ୍କୋର**

**ଜିମ୍ବାୱେ ଇନିଂସ–** ୩୦୭/୪, ୫୦ ଓଭର (ୱିଲିୟମ୍ସ ୧୦୯, ଏର୍ଭିନ ୬୪, ସିକନ୍ଦର ୧୮, ମୁର୍ ୫୮*, ମହମ୍ମଦ ନବଦୀପ ୧/୪୨)।

**ୟୁଏଇ ଇନିଂସ–** ୧୭୬/୧୦, ୪୬.୨ ଓଭର (ରିଜୱାନ ୪୭, ଉସମାନ ୪୯, ସାଇମନ ଅନୱର ୨୭, ର୍ୟାନ ୪/୩୨, ସିକନ୍ଦର ୨/୪୪, ଜାର୍ଭିସ ୨/୨୦)।

## ସମ୍ବିତ ଚାମ୍ପିୟନ, ବୈଭବ ରନର୍ସଅପ୍

**ରାଜ୍ୟ ଓପନ ଚେସ୍**




ଅତିଥିଙ୍କ ଗହଣରେ କୃତୀ ପ୍ରତିଯୋଗୀ ।

**ଭୁବନେଶ୍ୱର, ୧୪।୪(କ୍ରୀଡ଼ା ପ୍ରତିନିଧି)**

ଓଡ଼ିଶା ରାଜ୍ୟ ଚେସ୍ ଆସୋସିଏଶନ (ଓଏସସିଏ) ଆନୁକୂଲ୍ୟରେ ଓପନ ଚେସ୍ ଚାମ୍ପିୟନଶିପ୍ ୟୁନିଟ-୨ସ୍ଥିତ ସେକ୍ରେଟାରିଏଟ ରିକ୍ରିଏଶନ କ୍ଲବ ପରିସରରେ ଅନୁଷ୍ଠିତ ହୋଇ ଯାଇଛି। ଦୁଇ ଦିନଧରି ଅନୁଷ୍ଠିତ ୯ ରାଉଣ୍ଡ ବିଶିଷ୍ଟ ପ୍ରତିଯୋଗିତାରେ ୮ ପଏଣ୍ଟ ଲେଖାଏ ହାସଲ କରି ଭୁବନେଶ୍ୱରର ସମ୍ବିତ ପଣ୍ଡା ଚାମ୍ପିୟନ ଓ ପୁରୀର ବୈଭବ ମିଶ୍ର ରନର୍ସଅପ୍ ହୋଇଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ରାଜେନ୍ଦ୍ର କୁମାର ସାହୁ, ଫିଡେ ମାଷ୍ଟର ସୌମ୍ୟ ରଞ୍ଜନ ମିଶ୍ର, ଜଗଦୀଶ ବାରିକ, ତନ୍ମୟ କୁମାର, ଅମିତ ମହାନ୍ତି, ପ୍ରିୟବ୍ରତ ସାମନ୍ତ, ହର୍ଷିତ ରଞ୍ଜନ ସାହୁ, ଶାଶ୍ୱତ ମଳିକ(ସମସ୍ତେ ୭ ପଏଣ୍ଟ ଲେଖାଏ) ଟପ୍-୧୦ ଫିନିଶ୍ କରିଛନ୍ତି। ପ୍ରଦର୍ଶନ ଆଧାରରେ ୨୫ ଜଣଙ୍କୁ ମୁଖ୍ୟ ପୁରସ୍କାର ବ୍ୟତୀତ ୭, ୯, ୧୧, ୧୩, ୧୫ ବର୍ଷରୁ କମ୍ ଏବଂ ବାଳିକା ବର୍ଗର ଶ୍ରେଷ୍ଠ ୫ ଜଣ ଲେଖାଏ ପ୍ରତିଯୋଗୀଙ୍କୁ ସ୍ୱତନ୍ତ୍ର ପୁରସ୍କାରରେ ସମ୍ମାନିତ କରାଯାଥିଲା। ସ୍ନେହାଞ୍ଜଳି ପ୍ରଧାନ ଶ୍ରେଷ୍ଠ ମହିଳା, ବଂଶୀଧର ଭୋଇ ଶ୍ରେଷ୍ଠ ଭେଟେରାନ ଖେଳାଳି ବିବେଚିତ ହୋଇଥିଲେ। ୫ ଖେଳାଳିଙ୍କୁ ସାନ୍ତ୍ୱନା ମୂଳକ ପୁରସ୍କାର ପ୍ରଦାନ ଦିଆ ଯାଇଥିଲା। ଓଏସସିଏ ସମ୍ପାଦକ ସ୍ମୃତି ରଞ୍ଜନ ଦାସଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉତ୍ସବରେ ରାଜକିଶୋର ଘଡ଼େଇ ମୁଖ୍ୟ ଅତିଥି ଭାବେ ଯୋଗଦେଇ ପୁରସ୍କାର ବିତରଣ କରିଥିଲେ। ଓଏସସିଏ ଗେମ୍ସ ଡାଇରେକ୍ଟର ଦେବାଶିଷ ପାଣିଗ୍ରାହୀ, କୋଷାଧ୍ୟକ୍ଷ ବଂଶୀଧର ଭୋଇ ଓ କାର୍ଯ୍ୟକାରିଣୀ ସଦସ୍ୟ ପ୍ରଭାତ କୁମାର ନାଥ ପ୍ରମୁଖ ଉପସ୍ଥିତ ଥିଲେ।



3-Printed and published by Tathagata Satpathy on behalf of Navajat Printers & Media Pvt. Ltd. and printed at Navajat Printers, B-15, Industrial Estate, Rasulgarh, Bhubaneswar, Editor - Tathagata Satpathy, ସମ୍ପାଦକ–ତଥାଗତ ସତପଥୀ

Hero

କମ୍ ଡାଉନ୍ ପେମେଣ୍ଟ ₹2000/-**

ପଞ୍ଜୀକରଣ ଏବଂ ବୀମା ଶୁଳ୍କ ସହିତ




CUSTOMERS NO. 1 CHOICE IN ODISHA FOR 125CC CATEGORY

Fi ଇଞ୍ଜିନ୍ | ସବୁଠାରୁ ପାୱାରଫୁଲ୍# 125cc ବାଇକ୍ | ବେଷ୍ଟ-ଇନ୍-କ୍ଲାସ୍ iBS | ଟ୍ୟୁବଲେସ୍ ଟାୟାର୍ସ

INDIA'S FIRST 5 YEAR WARRANTY* *Conditions apply

Regd. Office: Hero MotoCorp Ltd., 34, Community Centre, Basant Lok, Vasant Vihar, New Delhi - 110057,India. CIN: L35911DL1984PLC017354. Phone No.: 011 - 46044100. For further information, contact nearest Hero MotoCorp authorised outlet or call our toll free no.: 1800 - 266 - 0018 or visit us on www.HeroMotoCorp.com. Accessories and features shown may not be part of standard fitment. Always wear a helmet while riding a two wheeler. *Terms & conditions apply. #Finance at the sole discretion of financiers. Customers have to provide all relevant documents desired by financiers to avail the loan. *In 125cc. **also available in FI.

HeroFinCorp.

HeroMotoCorpIndia HeroMotoCorpLimited heromotocorp.com @HeroMotoCorp TheHeroMotoCorp

For Institutional and Bulk Sales please write to Kolkata@heromotocorp.com

ଅଥରାଇଜଡ୍ ଡିଲର : ଭୁବନେଶ୍ୱର: ରୋହନ ହୀରୋ - 7799766422. ଭାରତ ହୀରୋ - 7799766378. ଡିଡି ହୀରୋ - 7799566329. ବାଲେଶ୍ୱର: ନୀଲମ ହୀରୋ - 7799766393. ବାରିପଦା : ଆଦିତ୍ୟ ହୀରୋ - 7799766370. ଭଦ୍ରକ : ସଞ୍ଜୀବ ହୀରୋ - 7799766380. ତଣ୍ଡୀଖୋଲ: ଏସ୍.କେ. ହୀରୋ - 7799766362. କଟକ: ଜେଏମଜି ହୀରୋ - 7799766366. ସନୀ ହୀରୋ - 7799766401. ଏସେନ୍ ହୀରୋ - 7799766425. ଜଗତସିଂହପୁର: ତ୍ରିଶୁଳ ହୀରୋ - 7799766383. ଯାଜପୁର ରୋଡ: ସୌମିକ ହୀରୋ - 7799766410. ଜଳେଶ୍ୱର: ସାଇ ହୀରୋ - 7799766407. କଟଣୀ: ବିଶାଳ ହୀରୋ - 7799766398. କେନ୍ଦୁଝର: ସୁପ୍ରିମ ହୀରୋ - 7799766360. ନୟାଗଡ଼: ଭଗବତୀ ହୀରୋ - 7799766417. ପୁରୀ: ସଞ୍ଜୀବ ହୀରୋ - 06752-255881, 8448389695. ଅଥରାଇଜଡ୍ ସର୍ଭିସ୍ ସେଣ୍ଟର: ବାଲିଆପାଳ : ବାବା ମୋଟର୍ସ - 253841, 9438757377. ବାଲୁଗାଁ: ମହାମୟୀ ମୋଟର୍ସ - (06756) 250280. ଯାଜପୁର: ଆୟୁଷ ଅଟୋମୋବାଇଲ୍ସ - 223864. କେନ୍ଦ୍ରାପଡ଼ା: ବୈଷ୍ଣବୀ ମୋଟର୍ସ - 221083. ଖୋର୍ଦ୍ଧା: ଦିନେଶ ଟ୍ରେଡିଂ କମ୍ପାନୀ - 221511. ନିମାପଡ଼ା: ବାସୁଦେବ ଅଟୋମୋବାଇଲ୍ସ - 252725. ପାରାଦୀପ: ପ୍ରଦୀପ ମୋଟର୍ସ - 9238120001. ପଟ୍ଟାମୁଣ୍ଡାଇ: ମିଶ୍ର ଅଟୋ - 220430. ପିପିଲି: ଶ୍ରୀରାମ ମୋଟର୍ସ - 240687. ପୁରୀ: ଲକ୍ଷ୍ମୀ ପ୍ରିୟା ମୋଟର୍ସ - 225552. ରାହାମା: ଶରଜା ଅଟୋମୋବାଇଲ୍ସ - 248001, 248002. ରାଇରଙ୍ଗପୁର: ନା ସାକନରୀ ମୋଟର୍ସ - 7008906387. ସୋରୋ: ଗୁରକିଲ ମୋଟର୍ସ - 221711, 9337375571.

MARUTI SUZUKI ARENA

WELCOME THIS SUMMER WITH COOL OFFERS.

Get your new Maruti Suzuki car, this April.




DZIRE SAVE UP TO ₹50,000* | SWIFT SAVE UP TO ₹45,000*


DZIRE SWIFT

E-BOOK TODAY AT WWW.MARUTISUZUKI.COM OR VISIT YOUR NEAREST MARUTI SUZUKI DEALERSHIP.

For Institutional Sales/ Bulk Deal / DGS&D/GeM Enquiries, please email at adinath.ray@maruti.co.in

| ODYSSEY MOTORS | JYOTE MOTORS | SKY AUTOMOBILES | NARAYANI MOTORS |
|---|---|---|---|
| • ANGUL: 7752076136, 9776901481 • PALLAHARA: 7873565435, 9437831123 | • BHUBANESWAR: LEWIS ROAD-9776615020, 9776615035, 9776615032 NAYAPALLI- 7381355999, 7381366999 • KEONJHAR: 8599019854, 7064493469 • BARIPADA: 9437102597 • BHADRAK: 7381064240 • NAYAGARH: 7381028515 • BALASORE: 7064499108 | • BHUBANESWAR: 9776645711 • CUTTACK: 9776677771, 7381873818 • DHENKANAL: 9776900005 • JAJPUR: 9776900777 | • BHUBANESHWAR: 7381094890/ 0674-2588474, 0674-2588475, 0674-2588473 • PURI: 9583022035 • PARADEEP: 9583022034/ 06722-228044 |

*Terms and conditions applicable. The Terms and Conditions are subject to change without any prior notice. All offers are brought to you by Maruti Suzuki Dealers only. Offers are applicable on selected car models. Car models and accessories shown may vary from the actual product. Images used are for illustration purpose only. Savings mentioned above includes applicable consumer offer and exchange bonus and is valid till 30th April'19. Offers mentioned above is of Dzire(AGS) & Swift(AGS). Offers as shown above may change without any prior notice.



ଅଯଥା ସନ୍ଦେହ ବିଶ୍ୱାସଘାତକତାକୁ ନିମନ୍ତ୍ରଣ କରି ଆଣେ।
- ଭଲଟାୟାର








## ସଂକ୍ଷେପରେ

### ଗୌତମଙ୍କ ମାରାଥନ ପ୍ରଚାର

**ଯାଜପୁର ଟାଉନ,୧୪।୪(ଡିଏନ୍.ଏ.):** ଯାଜପୁର ବିଧାନସଭା ନିର୍ବାଚନମଣ୍ଡଳୀର ଭାଜପା ପ୍ରାର୍ଥୀ ଗୌତମ ରାୟ ଯାଜପୁର ବ୍ଲକ ମାଳଆନନ୍ଦପୁର ପଞ୍ଚାୟତରେ ରବିବାର କର୍ମୀଙ୍କୁ ଧରି ଘର ଘର ବୁଲି ପ୍ରଚାର କରିଥିଲେ। ସେ ଉକ୍ତ ପଞ୍ଚାୟତର ନମଟିକିରୀ, କଣ୍ଟିଗଡ଼ିଆ, ନୁରୁଗାଁ ଓ ମାଳ ଅଞ୍ଚଳରେ ଘର ଘର ବୁଲି ରାଜ୍ୟ ସରକାରଙ୍କ ଦୁର୍ନୀତି ଓ ଭ୍ରଷ୍ଟାଚାର ବିଷୟରେ ଲୋକଙ୍କୁ ବୁଝାଇବା ସହ ପ୍ରଧାନମନ୍ତ୍ରୀଙ୍କ ବିଭିନ୍ନ କାର୍ଯ୍ୟକ୍ରମକୁ ଆଗେଇ ନେବାକୁ ଭୋଟରଙ୍କୁ ନିବେଦନ କରିଥିଲେ। କେନ୍ଦ୍ର ସରକାର ପ୍ରକଳ୍ପ ପାଇଁ ରାଜ୍ୟ ସରକାରଙ୍କୁ କୋଟି କୋଟି ଟଙ୍କା ଅର୍ଥ ପ୍ରଦାନ କରିଥିଲେ ମଧ ରାଜ୍ୟ ସରକାର ଏହାକୁ ଖର୍ଚ୍ଚ କରି ନ ପାରି କେନ୍ଦ୍ର ଅବହେଳା କହୁଥିବା ହାସ୍ୟାସ୍ପଦ କହିବା ସହ ରାଜ୍ୟ ସରକାର ବଦଳିବା ଦରକାର ବୋଲି କହିଥିଲେ। ଏହି ପ୍ରଚାରରେ ଗୌତମଙ୍କ ସହ ବରିଷ୍ଠ ଭାଜପା ନେତା ପ୍ରଦିପ ଧଳ, ନାରାୟଣ ଦଳାଇ, ସୌମ୍ୟ ଧଳ, ଜିତାମିତ୍ର ଦାସ, ରମାକାନ୍ତ ଦାସ, ଜିତେନ୍ଦ୍ର ମିଶ୍ର, କାହ୍ନୁଚରଣ ନାୟକ, ରାକେଶ ଦେଓ, କୈଳାସ ପହି, ଅମୁଲ୍ୟ ମାଝି, ବାପି ମିଶ୍ରଙ୍କ ସମେତ ଶହ ଶହ ସଂଖ୍ୟାରେ ଯୁବକ ସାମିଲ ହୋଇଥିଲେ।

### ମା' କଜଳେଇ ଯଜ୍ଞ ଉଦ୍‌ଯାପିତ



**କୋରେଇ,୧୪।୪(ସ୍ୱ.ପ୍ର.):** କୋରେଇ ବ୍ଲକ ଅନ୍ତର୍ଗତ ସହଗାଁ ଗ୍ରାମରେ ୩ ଦିନ ଧରି ଚାଲୁଥିବା ମା' କଜଳେଇ ଯଜ୍ଞ ରବିବାର ଉଦ୍‌ଯାପିତ ହୋଇଯାଇଛି। ଦୀର୍ଘଦିନ ଧରି ସହଗାଁ ଗ୍ରାମରେ ଗ୍ରାମବାସୀ ଏକଜୁଟ ହୋଇ ଏହି ଯଜ୍ଞ ଉତ୍ସବ ପାଳନ କରିଆସୁଛନ୍ତି। ପୂଜକ ନକୁଳ ଦାସ ଓ ବସନ୍ତ ଦାସଙ୍କ ଦ୍ୱାରା ୧୦୦୮ ଆହୁତି ଦିଆଯାଇ ଯଜ୍ଞ କାର୍ଯ୍ୟ ସମାପନ କରାଯାଇଛି। ସମସ୍ତ ଗ୍ରାମବାସୀ ଉପସ୍ଥିତ ରହି ସହଯୋଗ କରିଥିଲେ।

### ଆମ୍ବେଡ଼କର ଜୟନ୍ତୀ

**ସୁକିନ୍ଦା, ୧୪।୪(ଡି.ଏନ୍.ଏ.):** ସମ୍ବିଧାନ ପ୍ରଣେତା ଡ. ବାବା ସାହେବ ଭୀମରାଓ ଆମ୍ବେଡ଼କରଙ୍କ ୧୨୮ ତମ ଜନ୍ମ ଜୟନ୍ତୀ ଉତ୍ସବ ରବିବାର ପାଳିତ ହୋଇଯାଇଛି। ଆମ୍ବେଡ଼କର ଦଳିତ ବିକାଶ ପରିଷଦ ସୁକିନ୍ଦା ପକ୍ଷରୁ ସୁକିନ୍ଦା ବ୍ଲକ ଆଦିବାସୀ ବହୁଳ ପୁବୋଳ ଗ୍ରାମରେ ଶୁସାନ୍ତ କୁମାର ମଲ୍ଲିକଙ୍କ ସଭାପତିତ୍ୱରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ରାଜ୍ୟ ଦଳିତ ଆଧିକାର ମଞ୍ଚ ତଥା କଂଗ୍ରେସର ଏମ୍‌ପି ପ୍ରାର୍ଥୀ ମାନସ ଜେନା, ରାଜ୍ୟ ସଭାର ଅବସର ପ୍ରାପ୍ତ ଯୁଗ୍ମ ସଚୀବ ସତ୍ୟନାରାୟଣ ସାହୁ, ରାଜ୍ୟ ବୁଦ୍ଧିଜିବୀ ସଂଗଠନର ମଧୁସୁଦନ ଜାଦବ, ଦଳିତ ଅଧିକାର ମଞ୍ଚର ପ୍ରଶାନ୍ତ ମଲ୍ଲିକ ପ୍ରମୁଖ ଯୋଗଦେଇ ସମ୍ବିଧାନ ପ୍ରଣୟନ କ୍ଷେତ୍ରରେ ଆମ୍ବେଡ଼କରଙ୍କ ଭୁମିକା ସମ୍ପର୍କରେ ଆଲୋଚନା କରିଥିଲେ। ପୁବୋଳ ମୁଳଖଣ୍ଡ, ମଙ୍ଗଳପୁର, ପ୍ରଭୃତ ଗ୍ରାମ ସହ ଦଳିତ ବିକାଶ ମଞ୍ଚ ଭୁବନର ସଭାପତି ଗୌତମ ପାତ୍ର, ସଞ୍ଜୟ କୁମାର ନାୟକ, ବିମ୍ବାଧର ମଲ୍ଲିକ, ମନଜ କୁମାର ମଲ୍ଲିକ, ବାପି ଗୋଛାୟତ ପ୍ରମୁଖ ମଞ୍ଚାସୀନ ଅତିଥିଭାବେ ଯୋଗଦେଇଥିଲେ। ଏହିପରି ସୁକିନ୍ଦା ବ୍ଲକ ସିଙ୍ଗାଡ଼ିଆଠାରେ ଭାରତ ମୁକ୍ତି ମୋର୍ଚ୍ଚା ତରଫରୁ ଆମ୍ବେଡ଼କରଙ୍କ ଜନ୍ମ ଜୟନ୍ତୀ ପାଳିତ ହୋଇଯାଇଛି। ମୁରଲିଧର ପାତ୍ରଙ୍କ ସଭାପତିତ୍ୱରେ ପ୍ରହଲ୍ଲାଦ ମଲ୍ଲିକ, ଅଭୟ ପାତ୍ର, ଆର୍ତ୍ତତ୍ରାଣ ମଲିକ, ଖବରଦାତା ବିଶ୍ୱନାଥ ପାତ୍ର, ଗୀତାରାଣୀ ମହାନ୍ତ, ବାବୁଲି ପାତ୍ର, ପ୍ରଦୋଷ ପାତ୍ର, କୁଳମଣି ପାତ୍ର, ସନ୍ତୋଷ ପାତ୍ର, ରଞ୍ଜିତ ମଲ୍ଲିକ, ଚକ୍ରଧର ହାଇବ୍ରୁ ପ୍ରମୁଖ ଯୋଗଦେଇ ଥିଲେ।

## ସ୍ଥଳରେ ବିରାଜିଲେ ନାରାୟଣ ଗୋସାଇଁ

# ୧୦ହଜାରରୁ ଉର୍ଦ୍ଧ୍ୱ ଶ୍ରଦ୍ଧାଳୁଙ୍କ ସମାଗମ

**ରସୁଲପୁର,୧୪।୪(ଡିଏନଏ)**



ରସୁଲପୁର ବ୍ଲକ ଅଞ୍ଚଳର ଐତିହାସିକ ସିଂହାପୁର ଯାତ୍ରା ରବିବାର ପ୍ରତ୍ୟୁଷରୁ ଆରମ୍ଭ ହୋଇଛି। ଏହି ଅବସରରେ ପ୍ରଭୁ ନାରାୟଣ ଗୋସାଇଁ ଜଳାଶୟନ ଛାଡି ସ୍ଥଳରେ ବିରାଜିତ ହୋଇଛନ୍ତି। ପ୍ରଭୁଙ୍କୁ ଜଳକ୍ରୀଡା ଓ ପୂଜା ରୀତିନୀତି ଓ ସିଂହାସନରୂଢ ପର୍ଯ୍ୟନ୍ତ ସମସ୍ତ କାର୍ଯ୍ୟକ୍ରମ ଦେଖିବା ପାଇଁ ୧୦ହଜାରରୁ ଉର୍ଦ୍ଧ୍ୱ ଭକ୍ତ ଯାତ୍ରାସ୍ଥଳରେ ସମାଗମ ହୋଇଥିଲେ। ଏହି ଅବସରରେ ପ୍ରଭୁ ୩ଦିନ ଧରି ସ୍ଥଳଭାଗରେ ଥିବା ମନ୍ଦିର ସିଂହାସନରେ ବିରାଜମାନ କରି ଭକ୍ତଙ୍କୁ ଦର୍ଶନ ଦେବେ। ଯାତ୍ରାରେ ପୂର୍ବ ନିର୍ଦ୍ଧାରିତ ପୂଜା ନିର୍ଘଣ୍ଟ ଅନୁଯାୟୀ ସକାଳ ୭ଟା ୩୦ ମିନିଟ ସମୟରେ ଜଳରୁ ପ୍ରଭୁ ନାରାୟଣ ଗୋସାଇଁଙ୍କୁ ବାହାରକୁ ଅଣାଯାଇଥିଲା। ଜଳକ୍ରୀଡା ସହ ପ୍ରଭୁଙ୍କୁ ପୂର୍ବ ପାବଚ୍ଛରେ ଉପବେଶନ କରାଯାଇଥିଲା। ଏଠାରେ ରାଜ ପୁରୋହିତ ନିଳାମ୍ବର ପତିଶର୍ମା ପୂଜାର୍ଚ୍ଚନା କରିଥିଲେ। ରାଜ ଉତ୍ତରାଧିକାରୀ ପୁଷ୍ପାଞ୍ଜଳି ପ୍ରଦାନ କରିବା ସହ ପଇଡ ଓ କଞ୍ଚାକ୍ଷୀରରେ ଠାକୁରଙ୍କୁ ସ୍ନାନ କରାଯାଇଥିଲା। ଏଥିସହ ଚଳନ୍ତି ପ୍ରତିମା ମଦନମୋହନ ଜୀଉ ମନ୍ଦିରରୁ ଆସି ଏହି ପାବଚ୍ଛ ନିକଟରେ ପ୍ରଭୁଙ୍କୁ ସ୍ୱାଗତ କରିବାର ବିଧି ପାଳନ କରାଯାଇଥିଲା। ପରେ ଠାକୁରଙ୍କୁ ପୁଣି ଜଳକ୍ରୀଡା କରାଯାଇ ଉତ୍ତର ପାବଚ୍ଛରେ ପହଞ୍ଚା ଯାଇଥିଲା। ଉକ୍ତ ସ୍ଥାନରେ ରାଣୀ ଅପର୍ଣ୍ଣାଧିର ସିଂ ଭରଦ୍ୱାଜ ଓ ଜମାତା ବିନୀତ ଭରଦ୍ୱାଜଙ୍କ ସହ ଅନ୍ୟ ସଦସ୍ୟମାନେ ଅର୍ଘ୍ୟ ଓ ବନ୍ଦାପନା ଥାଳି ଧରି ଅପେକ୍ଷା କରିଥିଲେ। ପ୍ରଭୁଙ୍କୁ ପହଣ୍ଡି ବିଜେ କରାଇ ସିଂହାସନ ପର୍ଯ୍ୟନ୍ତ ନେଇଥିଲେ। ରାଜ ପରିବାର ଉତ୍ତରାଧିକାରୀ ଭାବେ ଅପର୍ଣ୍ଣା ରାଇ ବାସଙ୍ଗ ପୁଷ୍ପ ଓ ପତ୍ରରେ ସ୍ୱାଗତ କରିଥିଲେ। ଏହି ସମୟରେ ଶଙ୍ଖ, ଘଣ୍ଟଘଣ୍ଟା, ବାଦ୍ୟ, ସଂକୀର୍ତ୍ତନ ଶବ୍ଦରେ ପରିବେଶ ପ୍ରକମ୍ପିତ ହୋଇଉଠିଥିଲା। ପ୍ରଭୂ ସିଂହାସନ ରୂଢ ହେବା ପରେ ରୁଦ୍ଧଦ୍ୱାର ପୂଜା କରାଯାଇଥିଲା। ଏହି ଅବସରରେ ପ୍ରଭୂ ମଦନମୋହନ ଜୀଉ ଯଜ୍ଞ ମଣ୍ଡପରେ ଅବସ୍ଥାନ କରିଥିଲେ। ଯଥାବିଧି ପୂଜା ଶେଷ ହେବା ପରେ ସାହଣମେଲା କରାଯାଇଥିଲା। ଶ୍ରଦ୍ଧାଳୁଙ୍କ ଦର୍ଶନାର୍ଥେ ମନ୍ଦିର ଫାଟକ ଖୋଲାଯାଇଥିଲା। ଏଥିସହ ଠାକୁରଙ୍କୁ ଆଦିତ୍ୟ ନାରାୟଣ ବେଶ, ମୀନ, କୁର୍ମ ଅବତାରରେ ଭୂଷିତ କରାଯାଇଥିଲା। ସନ୍ଧ୍ୟା ଆଳତି ପରେ ବରାହ ଅବତାର ଓ ରାତିରେ ପ୍ରଭୁଙ୍କୁ ବଡସିଂହାର ବେଶରେ ସଜ୍ଜିତ କରାଯାଇଥିଲା। ଉକ୍ତ କାର୍ଯ୍ୟକ୍ରମରେ ଧର୍ମଶାଳା ବିଧାୟକ ପ୍ରଣବ ବଳବନ୍ତରାଏ, ଏମ୍‌ପି ପ୍ରାର୍ଥିନୀ ଶର୍ମିଷ୍ଠା ସେଠୀ ପ୍ରମୁଖ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ। ଚଳିତବର୍ଷ ଯାତ୍ରା ପରିଚାଳନା କମିଟି ଓ ପଞ୍ଚାୟତର ଜନପ୍ରତିନିଧିଙ୍କ ମଧରେ ବିବାଦ ଦେଖା ଦେଇଥିବାରୁ ଏହାକୁ ଦୃଷ୍ଟିରେ ରଖି ପୋଲିସ ପ୍ରଶାସନ ପକ୍ଷରୁ ଯାତ୍ରାସ୍ଥଳରେ ଆଇନ ଶୃଙ୍ଖଳା ବଜାୟ ରଖିବା ଉପରେ ଗୁରୁତ୍ୱ ଦିଆଯାଇଛି।

**ଐତିହାସିକ ସିଂହାପୁର ଯାତ୍ରା ଆରମ୍ଭ**

## ସଟର ଭାଙ୍ଗି ଏଟିଏମ୍ ତାଡ଼ିନେଲେ ଲୁଟେରା




ଏଟିଏମ୍ କାଉଣ୍ଟର୍‌ର ସଟର୍ ତାଡ଼ି ଦିଆଯାଇଛି।

**ଧର୍ମଶାଳା/ଚଣ୍ଡିଖୋଲ, ୧୪।୪(ଡି.ଏନ୍.ଏ.)**

ଧର୍ମଶାଳା ଥାନା ଅନ୍ତର୍ଗତ ଜାତୀୟ ରାଜପଥ ରାସାଳପୋଲ ନିକଟରେ ଥିବା ଚଣ୍ଡିଖୋଲ ଏଚ୍‌ଡିଏଫସି ବ୍ୟାଙ୍କ ଏଟିଏମ୍ ଶନିବାର ବିଳମ୍ବିତ ରାତିରେ ଲୁଟ୍ ହୋଇଛି। ଲୁଟେରାମାନେ ସଟର ଭାଙ୍ଗି ଏଟିଏମ୍ ତାଡି ନେଇ ପଳାଇଛନ୍ତି। ତେବେ ଏଟିଏମ୍ ମେଶିନରେ ୧୨ ହଜାର ପାଞ୍ଚ ଶହ ଟଙ୍କା ରହିଥିବା ବ୍ୟାଙ୍କ ପକ୍ଷରୁ ସୂଚନା ଦିଆଯାଇଛି। ଏ ନେଇ ରବିବାର ବ୍ୟାଙ୍କ ପରିଚାଳକ ମଳୟ ଦାସ ଧର୍ମଶାଳା ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ଅଭିଯୋଗ ଆଧାରରେ ପୋଲିସ ଏକ ମାମଲା (୧୬୯/୧୯) ରୁଜୁ କରିଛି। ଯାଜପୁର ଏସ୍‌ଡିପିଓ କେଦାର ନାଥ ସାହୁ, ଧର୍ମଶାଳା ଥାନା ଅଧିକାରୀ ସରୋଜ କୁମାର ସାହୁ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଚଳାଇଛନ୍ତି। ପ୍ରକାଶ ଯେ, ୧୬ ନମ୍ବର ଜାତୀୟ ରାଜପଥ ପାର୍ଶ୍ୱ ଚଣ୍ଡିଖୋଲ ନିକଟରେ ଏଚ୍‌ଡିଏଫ୍‌ସି ବ୍ୟାଙ୍କ ଶାଖା ଉପର ମହଲାରେ ରହିଥିବାବେଳେ ତଳ ମହଲାରେ ଏହାର ଏକ ଏଟିଏମ୍ ରହିଛି। ଏଟିଏମ୍ ମେଶିନ୍‌ଟି ଜାତୀୟ ରାଜପଥ ପାର୍ଶ୍ୱରେ ରହିଥିବାରୁ ସୁରକ୍ଷା ଦୃଷ୍ଟିରୁ ପ୍ରତ୍ୟହ ସନ୍ଧ୍ୟା ୮ଟା ପରେ ବନ୍ଦ କରାଯିବା ସହ ସିସିଟିଭି ମଧ ବନ୍ଦ କରାଯାଇଥାଏ। ଏହାର ସୁଯୋଗ ନେଇ ଡକାୟତମାନେ ଲୁଟ୍ କରିବାରେ ସଫଳ ହୋଇଥିବା ପୋଲିସ କହିଛି।

## ଫ୍ଲାଇଂ ସ୍କ୍ୱାଡ ପକ୍ଷରୁ ୧୫.୨୨ଲକ୍ଷ ଟଙ୍କା ଜବତ ହେବା ଘଟଣା

# ୧୬ରେ ତଥ୍ୟ ଦାଖଲ କରିବ କମ୍ପାନୀ

**ଯାଜପୁର ଟାଉନ,୧୪।୪(ଡି.ଏନ୍.ଏ)**

ଫ୍ଲାଇଂ ସ୍କ୍ୱାଡ ଓ କାଳିଆପାଣି ପୋଲିସ ପକ୍ଷରୁ ଶନିବାର କାଳିଆପାଣି ଅଞ୍ଚଳରୁ ୧୫ଲକ୍ଷ ୨୨ହଜାର ଟଙ୍କା ଏକ ବୋଲେରୋରୁ ଜବତ କରାଯାଇଥିଲା। ରବିବାର ଏହି ଟଙ୍କାକୁ ଏକ ବାକ୍ସରେ ସିଲ୍ କରାଯାଇ ଜିଲା ଟ୍ରେଜେରୀ କାର୍ଯ୍ୟାଳୟରେ ରଖାଯାଇଛି। ୩ ନମ୍ବର ଫ୍ଲାଇଂ ସ୍କ୍ୱାଡ ପକ୍ଷରୁ ଚାଲିଥିବା ଧରପଗଡ ସମୟରେ ସନ୍ଧ୍ୟାରେ କାଳିଆପାଣିରୁ ସୁକିନ୍ଦା ଆଡ଼କୁ ଯାଉଥିବା ଏକ ବୋଲେରୋ (ଓଡି୩୩ଟି୭୬୦୮)କୁ ଯାଞ୍ଚ କରାଯାଇଥିଲା। ସେଥିରୁ ଏହି ବିପୁଳ ଅର୍ଥ ଜବତ କରାଯାଇଥିଲା। ଏହି ଟଙ୍କା ନର୍ଥ ଇଷ୍ଟର୍ଣ୍ଣ କ୍ୟାରିଂ କର୍ପୋରେଶନର ବୋଲି କମ୍ପାନୀ ମ୍ୟାନେଜର ବିଚିତ୍ର ଦାସ ପ୍ରକାଶ କହିଛନ୍ତି। ରବିବାର ଜିଲାପାଳ ତଥା ଜିଲା ନିର୍ବାଚନ ଅଧିକାରୀ ରଞ୍ଜନ କୁମାର ଦାସଙ୍କ ଅଧକ୍ଷତାରେ ଜିଲାପାଳଙ୍କ କାର୍ଯ୍ୟାଳୟରେ ଏ ସମ୍ପର୍କିତ ଏକ କମିଟି ବୈଠକ ଅନୁଷ୍ଠିତ ହୋଇଥିଲା। ସମ୍ପୃକ୍ତ କମ୍ପାନୀ ମ୍ୟାନେଜର ଦାସ ଏହି ଟଙ୍କା କମ୍ପାନୀର ଗାଡ଼ି ଭଡ଼ା, ଲୋଡିଂ ଅନ୍‌ଲୋଡିଂ ଓ ଅନ୍ୟାନ୍ୟ ଆନୁସାଙ୍ଗିକ ଖର୍ଚ୍ଚ ପାଇଁ କଟକସ୍ଥିତ କୋଟାକ୍ ମହିନ୍ଦ୍ରା ବ୍ୟାଙ୍କରୁ ଉଠାଯାଇ ଅଣାଯାଉଥିଲା ବୋଲି କହିଥିଲେ। ଏ ସମ୍ପର୍କରେ ବିଷଦ ଓ ଠିକ୍ ତଥ୍ୟ ପ୍ରଦାନ କରିବା ପରେ ଏହି ଅର୍ଥ ରିଲିଜ୍ କରାଯିବା ପାଇଁ ପଦକ୍ଷେପ ନିଆଯାଇପାରେ ବୋଲି ଜିଲାପାଳ ତଥା ଜିଲା ନିର୍ବାଚନ ଅଧିକାରୀ ଦାସ ସ୍ପଷ୍ଟ କରିଦେଇଛନ୍ତି। ତେବେ ଉପଯୁକ୍ତ ତଥ୍ୟ ଆସନ୍ତା ୧୬ରେ ଜିଲା କମିଟି ନିକଟରେ ଦାଖଲ କରାଯିବ ବୋଲି ମ୍ୟାନେଜର ବିଚିତ୍ର ଦାସ ପ୍ରକାଶ କରିଥିଲେ। ଜିଲାପାଳଙ୍କ କାର୍ଯ୍ୟାଳୟରେ ଅନୁଷ୍ଠିତ ଏହି କମିଟିରେ ଜିଲା ଟ୍ରେଜେରୀ ଅଧିକାରୀ ଅରକ୍ଷିତ ବେହେରା, ଅତିରିକ୍ତ ପ୍ରକଳ୍ପ ନିର୍ଦ୍ଦେଶକ ଚିତ୍ତରଞ୍ଜନ ଦାଶ, ଫ୍ଲାଇଂ ସ୍କ୍ୱାଡ ଲିଡର ଚିତ୍ତରଞ୍ଜନ ରାଉତ, କାଳିଆପାଣି ଥାନାଧିକାରୀ ପ୍ରମୁଖ ଉପସ୍ଥିତ ଥିଲେ।

## ହାଇୱା-ବାଇକ୍ ଧକ୍କା, ଜଣେ ମୃତ

**ଚଣ୍ଡିଖୋଲ,୧୪।୪(ଡି.ଏନ.ଏ.)**

୫୩ ନଂ. ଜାତୀୟ ରାଜପଥର ବଡ଼ଚଣା ଥାନା ଅନ୍ତର୍ଗତ ଖୋସାଲିପୁର ଓଭର ବ୍ରିଜ ନିକଟରେ ରବିବାର ସକାଳେ ହାଇୱା-ବାଇକ୍ ଧକ୍କାରେ ବାଇକ୍ ଚାଳକଙ୍କ ମୃତ୍ୟୁ ହୋଇଛି। ସେ ହେଲେ ଧର୍ମଶାଳା ଥାନା ଅନ୍ତର୍ଗତ ବରହମପୁର ଗ୍ରାମର ରଜତ କୁମାର ମଳିକ(୧୮)। ଗୁରୁତରମାନେ ହେଲେ ମଦନ ମଳିକ (୧୯), ଶାନ୍ତନୁ ମଳିକ (୧୯)। ଗୁରୁତରଙ୍କୁ ପ୍ରଥମେ ବଡ଼ଚଣା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଓ ପରେ କଟକ ବଡ଼ ଡାକ୍ତରଖାନା ପଠାଯାଇଛି। ପ୍ରକାଶ ଯେ, ରଜତ, ମଦନ ଓ ଶାନ୍ତନୁ ମହାବିନାୟକ ମନ୍ଦିର ଦର୍ଶନ କରି ବାଇକ୍ (ଓଡି-୦୪ଏମ-୬୪୩୨) ଯୋଗେ ଫେରୁଥିବା ବେଳେ ଖୋସାଲିପୁର ଓଭର ବ୍ରିଜ ନିକଟରେ ଏକ ହାଇୱା (ନଂ.ଓଆର-୧୬ସି-୧୭୩୯) ସହ ଧକ୍କା ହୋଇଥିଲା। ପୋଲିସ ଦୁର୍ଘଟଣାଗ୍ରସ୍ତ ଗାଡ଼ିଜବତ କରିବା ସହ ଏକ ମାମଲା (ନଂ ୬୭/୧୯) ରୁଜୁ କରି ରଜତଙ୍କ ମୃତଦେହ ବ୍ୟବଚ୍ଛେଦ କରିଛି।

# ଅସିଆ ପର୍ବତରୁ ଚୋରାଚାଲାଣ ହେଉଛନ୍ତି ବନ୍ୟଜନ୍ତୁ

**ବାଲିଚନ୍ଦ୍ରପୁର,୧୪।୪(ସ୍ୱ.ପ୍ର)**

ଅସିଆ ପର୍ବତମାଳାର ମାଣ୍ଡୁକା, ଧାଉଡିଆପଦା, ମଖିପଡ଼ା, ଚାରିନଙ୍ଗଳ, ଅଚ୍ୟୁତବସନ୍ତ, ଅସିଆ ଆଦି ସ୍ଥାନରୁ ବେଆଇନ ଭାବେ ମୋରମ, ବୋଲଡର ଲୁଟ ହେଉଛି। ଏହି ବେଆଇନ ଚାଲାଣ ପାଇଁ ଅସିଆ ଚାରିନଙ୍ଗଳ ପ୍ରସ୍ତାବିତ ସଂରକ୍ଷିତ ଜଙ୍ଗଲରେ ବହୁଳ ଭାବେ ରହୁଥିବା ଖୁରାଣ୍ଟି, ଠେକୁଆ, ସମ୍ବର, ଝିଙ୍କ, ଭାଲୁ ଓ ସରୀସୃପ ଜାତୀୟ ବନ୍ୟପ୍ରାଣୀଙ୍କ ସଂଖ୍ୟା ଦିନକୁ ଦିନ ହ୍ରାସ ପାଇବାରେ ଲାଗିଛନ୍ତି। ମୋରମ ମାଫିଆମାନେ ନିରୀହ ବନ୍ୟପ୍ରାଣୀଙ୍କୁ ଶିକାର କରୁଥିବା ଅଭିଯୋଗ ହେଉଛି। ଏ ସମ୍ପର୍କରେ ବାରାମ୍ବର ଖବର ପ୍ରକାଶ ପାଇଥିଲେ ମଧ ଏଥିପ୍ରତି ବନ ବିଭାଗ କିମ୍ବା ସ୍ଥାନୀୟ ପୋଲିସ ପ୍ରଶାସନ ଅଣଦେଖା କରିଆସିଛି। ତେବେ ୨/୩ଦିନ ତଳେ ମୋରମ ସହିତ ଏକ ଖୁରାଣ୍ଟି ଚୋରା ଚାଲାଣ ବେଳେ ମଧରାତ୍ରିରେ ଗାଡ଼ିରୁ ଡେଇଁ ପଡ଼ିଥିଲା। ଭୋର ସମୟରେ ଅଚ୍ୟୁତ ବସନ୍ତ ଗଡ଼ ଗ୍ରାମର କିଛି ଲୋକ ସକାଳୁ ଜଙ୍ଗଲ ରାସ୍ତାରେ ଯିବା ସମୟରେ ଆହତ ଅବସ୍ଥାରେ ପଡ଼ିଥିବା ଖୁରାଣ୍ଟିକୁ ଉଦ୍ଧାର କରିଥିଲେ। ପରେ ଡାଳିଯୋଡ଼ା ବନ ବିଭାଗକୁ ଖବର ଦେଇଥିଲେ। ଖବରପାଇ ବନ ବିଭାଗର କର୍ମଚାରୀ ପହଞ୍ଚି ଆହତ ଖୁରାଣ୍ଟିକୁ ନିଜ ଅଧୀନକୁ ନେଇଥିଲେ। ଏ ସମ୍ପର୍କରେ ଫରେଷ୍ଟର ଶଶିକାନ୍ତ ବେହେରାଙ୍କୁ ପଚାରିବାରେ, ଖୁରାଣ୍ଟିର ଚିକିତ୍ସା ଚାଲିଛି। ସୁସ୍ଥ ହେବା ପରେ ତାକୁ ବାରୁଣାବନ୍ତ ପର୍ବତରେ ଛାଡ଼ି ଦିଆଯିବ ବୋଲି କହିଛନ୍ତି। ଏଥିପ୍ରତି ବନ ବିଭାଗ ଉଚ୍ଚ କର୍ତ୍ତୃପକ୍ଷ ଓ ଜିଲାପାଳ ସ୍ୱତନ୍ତ୍ର ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହୋଇଛି।

## ନବମ ବାର୍ଷିକ ମା' ମଙ୍ଗଳା ମହୋତ୍ସବ

# ମା'ଙ୍କ ପୀଠକୁ ପର୍ଯ୍ୟଟନସ୍ଥଳୀ ମାନ୍ୟତା ଦାବି

**ଦଶରଥପୁର,୧୪।୪(ଡିଏନ୍ଏ)**




ମହୋତ୍ସବରେ ମଞ୍ଚାସୀନ ଅତିଥି।

ଯାଜପୁର ଜିଲା ଦଶରଥପୁର ବ୍ଲକ ଡାହାଣହତା ପଞ୍ଚାୟତସ୍ଥିତ କୁଆଁସ ମା'ମଙ୍ଗଳା ପୀଠରେ ରବିବାର ନବମ ବାର୍ଷିକ ପ୍ରସିଦ୍ଧ ମା' ମଙ୍ଗଳା ମହୋତ୍ସବ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ଦଶରଥପୁର, ବିଞ୍ଝାରପୁର, ଯାଜପୁର, ବରୀ ବ୍ଲକ ସମେତ ପଡ଼ୋଶୀ ଭଦ୍ରକ ଓ କେନ୍ଦ୍ରାପଡା ଜିଲାର ଆଖପାଖ ଅଞ୍ଚଳରୁ ୪୦ ହଜାରରୁ ଉର୍ଦ୍ଧ ଶ୍ରଦ୍ଧାଳୁଙ୍କ ସମାଗମ ହୋଇଥିଲା। ଶତାଧିକ ପାଟୁଆ ଓ ମାନସୀକ ଧାରୀ ମା' ପୋଖରୀରେ ବୁଡ ପକେଇଥିଲେ। ସୁବ୍ରତା ଶିକ୍ଷ ତାଲିମ ଅନୁଷ୍ଠାନ ଓ ସେଣ୍ଟ ଜାଭିୟର ହାଇସ୍କୁଲ (ମଙ୍ଗଳପୁର) ପକ୍ଷରୁ ଶ୍ରଦ୍ଧାଳୁଙ୍କୁ ପ୍ରସାଦ ବଣ୍ଟନ କରାଯାଇଥିଲା। ସେହିପରି କାହ୍ନେଇ ପଡ଼ିଆ ଯୁବକ ସଂଘ (ଛତ୍ରପଡା), ଯାଜପୁର ଜିଲା ଅବସର ପ୍ରାପ୍ତ ସୈନିକ ସଂଘ ମଙ୍ଗଳପୁର, ଶ୍ରୀ ସତ୍ୟସାଇ ସେବା ସମିତି ମଙ୍ଗଳପୁର, ସିମିଟି କମ୍ପ୍ୟୁଟର, ମଙ୍ଗଳପୁର, ଶିକ୍ଷାଭାରତୀ ବିଦ୍ୟା ମନ୍ଦିର, ଦଶରଥପୁର, ଦଶରଥପୁର ପଞ୍ଚାୟତ ସମିତିର ବିଜେଡି ଓ ଅଖିଳ ଭାରତୀୟ ବିଦ୍ୟାର୍ଥୀ ପରିଷଦ ପକ୍ଷରୁ ଜଳଛତ୍ର ବ୍ୟବସ୍ଥା କରାଯାଇଥିଲା। ପ୍ରଜାପତି ବ୍ରହ୍ମାକୁମାରୀ ଇଶ୍ୱରୀୟ ବିଶ୍ୱ ବିଦ୍ୟାଳୟ ବଉଳାଙ୍ଗ ପକ୍ଷରୁ ଗୀତା ପାଠଶାଳା, ଦଶରଥପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଓ ମଙ୍ଗଳପୁର ଗୋଷ୍ଠୀସ୍ୱାସ୍ଥ୍ୟକେନ୍ଦ୍ର ପକ୍ଷରୁ ମାଗଣା ସ୍ୱାସ୍ଥ୍ୟ ଶିବିର ଖୋଲା ଯାଇଛି। ଉକ୍ତ ମହୋତ୍ସବରେ ପ୍ରାୟ ୮୦୦ରୁ ଉର୍ଦ୍ଧ୍ୱ ଉଠା ଦୋକାନୀ ନିଜର ପସରା ଖୋଲିଥିବା ଦେଖିବାକୁ ମିଳିଛି। ନବମ ବାର୍ଷିକ ମା' ମଙ୍ଗଳା ମହୋତ୍ସବ-୨୦୧୯ ଜ୍ୟୋଷ୍ଠ ସଂକ୍ରାନ୍ତି ପର୍ଯ୍ୟନ୍ତ ମାସାଧିକାଳ ଚାଲିବାକୁଥିବାବେଳେ ପୂଜା କାର୍ଯ୍ୟ ୨ ଦିନ ଧରି ଚାଲିବ ବୋଲି କମିଟି ପକ୍ଷରୁ ସୂଚନା ଦିଆଯାଇଛି। ମହୋତ୍ସବ ପରିପ୍ରେକ୍ଷୀରେ ସଭାପତି ଶେଷଦେବ ସୂତାରଙ୍କ ସଭାପତିତ୍ୱରେ ଏକ ସଭା ଅନୁଷ୍ଠିତ ହୋଇଥିଲା। ଏଥିରେ ସମ୍ମାନିତ ଅତିଥିଭାବେ ଜିଲା ପରିଷଦ ସଭ୍ୟ ସରୋଜ ମହାପାତ୍ର, ସଭ୍ୟା ରଞ୍ଜିତା ରାଉତ, ସରପଞ୍ଚ ଗୋବିନ୍ଦ ଚନ୍ଦ୍ର ଯେନା, ବାବାଜୀ ଚରଣ ଯେନା. କର୍ଣ୍ଣାଟ କେଶରୀ ଦାସ, ରଙ୍ଗାଧର ନାୟକ, ନକୁଳ ଚରଣ ନାୟକ, ଦିଲୀପ ବେହେରା, ଫକୀର ଚରଣ ଜେନା, ମଧୁସୁଦନ ପଣ୍ଡା, ତପନ ପଣ୍ଡା, ଗୌରାଙ୍ଗ ମଲିକ, ବିଷ୍ଣୁ ପାତ୍ର, ବୈଷ୍ଣବ ସାହୁ, ଗଗନ ଯେନା, ରଞ୍ଜନ ବାରିକ୍ ପ୍ରମୁଖ ଯୋଗଦେଇଥିଲେ। ଐତିହ୍ୟ ଦୃଷ୍ଟିରୁ ମା'ଙ୍କ ପୀଠକୁ ପର୍ଯ୍ୟଟନସ୍ଥଳୀର ମାନ୍ୟତା ଦେବା ନେଇ ସଭାରେ ଦାବି କରାଯାଇଛି।

## ବଜରଙ୍ଗୀ କ୍ଲବ ପକ୍ଷରୁ ପାଦପୂଜା ଉତ୍ସବ

**ଜେନାପୁର,୧୪।୪(ଡି.ଏନ୍.ଏ.)**

ପବିତ୍ର ପଣା ସଂକ୍ରାନ୍ତି ତଥା ଓଡ଼ିଆ ନବବର୍ଷ ଉପଲକ୍ଷେ ରବିବାର ଧର୍ମଶାଳା ବ୍ଲକ ଚକ୍ରଧରପୁର ପଞ୍ଚାୟତ ଅଧୀନ ମୁକୁନ୍ଦପୁର ଗ୍ରାମର ବଜରଙ୍ଗ କ୍ଲବର ୫ମ ବାର୍ଷିକ ପାଦପୂଜା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ କୃଷ୍ଣ ଚନ୍ଦ୍ର ସାହୁଙ୍କ ସଭାପତିତ୍ୱରେ ଧର୍ମଶାଳା ବିଧାୟକ ପ୍ରଣବ କୁମାର ବଳବନ୍ତ ରାୟ, ଏମ୍‌ପି ପ୍ରତିନିଧି ଉତ୍କଳମଣି ଦାସ, ବିଧାୟକ ପ୍ରତିନିଧି ନିର୍ମଳ କୁମାର ପ୍ରଧାନ, ଶୁବାଷ ଚନ୍ଦ୍ର ଜେନା, ଜୟନ୍ତ କୁମାର ଜେନା, ପ୍ରଦୀପ କୁମାର ପାଲ ଯୋଗଦେଇ ଥିଲେ। ଏହି ଅବସରରେ କ୍ଲବ କର୍ମକର୍ତ୍ତାମାନେ ଗ୍ରାମର ୧୫୦ରୁ ଉର୍ଦ୍ଧ୍ୱ ବୃଦ୍ଧାବୃଦ୍ଧଙ୍କ ପାଦ ପୂଜନ କରିବା ସହ ବସ୍ତ୍ର ପ୍ରଦାନ କରଥିଲେ। କ୍ଲବ ସଭାପତି ସୁନିଲ କୁମାର ଜେନା, ସମ୍ପାଦକ ଦିଲୀପ କୁମାର ରାଉତ, ପାପୁନି ସିଂ ଦେଓ, ରାକେଶ ଜେନା, ରାଜୁ ଜେନା, ଦିଲୀପ ଜେନା, ଦିଲୁ ପାଲ୍, ସୁଜିତ୍ ପାଲ୍, ପବିତ୍ର ରାଉଳ, ସୋଭାଗ୍ୟ ସାମଲଙ୍କ ସମେତ କ୍ଲବର ସମସ୍ତ ସଭ୍ୟ ପୂର୍ଣ୍ଣ ସହଯୋଗ କରିଥିଲେ।


**ତୃତୀୟ ଜନ୍ମଦିନ ଶୁଭେଚ୍ଛା**



**ସାଇ ସୌଭିକ (ଡୁଗୁ)**

ତୋର ୩ୟ ଜନ୍ମଦିନରେ ସାଇବାବାଙ୍କ ପାଖରେ ଏତିକି ପ୍ରାର୍ଥନା କରୁଛୁ ପ୍ରଭୁ ତୋତେ ସୁସ୍ଥ ଓ ଦୀର୍ଘାୟ ରଖନ୍ତୁ। ତୋ ଭବିଷ୍ୟତ ଉଜ୍ଜ୍ୱଳମୟ ହେଉ, ଚଲାପଥ କୁସୁମିତ ହେଉ ଏତିକି କାମନା ଜଣାଉଛୁ।

ଶୁଭେଚ୍ଛା ସହ

ବାପା- ବିଶିକେଶନ, ମାମା- ସୁଶ୍ରୀ ସଙ୍ଗିତା, ଜେଜେମା, ଅଜା, ଆଇ, ମାମୁ, ମଉସା, ମାଉସୀ, ଏବଂ ପରିବାରବର୍ଗ।

ଧ-୧୨୧୫୨

**ଦ୍ୱିତୀୟ ଜନ୍ମଦିନ ଶୁଭେଚ୍ଛା**



**ଶୁଭଲକ୍ଷ୍ମୀ ଦାସ(ମୁନ୍)**

ଶୁଭ ଜନ୍ମଦିନ ଅବସରରେ ପ୍ରଭୁ ଶ୍ରୀଗଣେଶ ଠାକୁରେ ତୋତେ ଭଲ ମଣିଷଟିଏ କରନ୍ତୁ।

ଶୁଭେଚ୍ଛା ସହ

ଜେଜେ ବାପା, ଜେଜେ ମା, ଆଇ, ବଡ଼ ବାପା, ବଡ଼ ବୋଉ, ବାପା, ମାମା, ମାମୁ, ମାଇଁ, ଦାଦା, ଦିଦି, ମଉସା, ମାଉସୀ, ପିଇସା, ପିଉସୀ।

ଧ-୧୨୧୫୧

**ଦ୍ୱିତୀୟ ଜନ୍ମବାର୍ଷିକୀ ଶୁଭେଚ୍ଛା**



(ଗୁଡ୍ଡୁ)

**ବିନୟ କ୍ରିଷ୍ଣ ତ୍ରିପାଠୀ**

ଭୁବନେଶ୍ୱର

ଶୁଭ ଜନ୍ମଦିନରେ ପ୍ରଭୁ ତୁମକୁ ଦୀର୍ଘାୟୁ କରନ୍ତୁ ଏବଂ ତୁମ ଚଲାପଥ ପୁଷ୍ପିତ ହେଉ।

ଶୁଭାଶୀର୍ବାଦ ସହ

ଜେଜେବାପା-ଜେଜେମାମାନେ, ନନା, ବୋଉ, ପିଇସା, ପିଇସିମାନେ, କାକାମାନେ, ଅଜା, ଆଇ, ମାମୁମାନେ, ମାଇଁ, ବନ୍ଧୁ ଓ ପରିବାରବର୍ଗ।

ଧ-୬୫୮୭୯

ଧରିତ୍ରୀ
DHARITRI
ଭୁବନେଶ୍ୱର, ସୋମବାର, ୧୫ ଏପ୍ରିଲ, ୨୦୧୯



ଅନ୍ୟଠାରୁ ନିଜକୁ ଉଚ୍ଚ ବୋଲି ମଣିବା ହେଉଛି ଭଗବାନଙ୍କ ପ୍ରତି ଦ୍ରୋହ ଆଚରଣ।
- ମହାତ୍ମା ଗାନ୍ଧୀ



## ସଂକ୍ଷେପରେ

### ସୁନନ୍ଦାଙ୍କୁ ଗ୍ରାମବାସୀଙ୍କ ବିରୋଧ

ରତ୍ନଗିରି,୧୪।୪(ଡି.ଏନ୍.ଏ.): ବରୀ ନିର୍ବାଚନମଣ୍ଡଳୀର ବିଜେଡି ପ୍ରାର୍ଥିନୀ ସୁନନ୍ଦା ଦାସ ଶନିବାର ପ୍ରଚାର ସମୟରେ ବିରୋଧର ସମ୍ମୁଖୀନ ହୋଇଛନ୍ତି। ସୁନନ୍ଦା ରତଳାଙ୍ଗ ପଞ୍ଚାୟତର ବନ୍ଧପଡ଼ା ରାଜସ୍ୱ ଗ୍ରାମକୁ ପ୍ରଚାର ପାଇଁ ଯିବାବେଳେ ଗ୍ରାମବାସୀ ତାଙ୍କୁ ବିରୋଧ କରିଥିଲେ। ଲୋକଙ୍କ କହିବାନୁଯାୟୀ, ସୁନନ୍ଦା ବ୍ଲକ ଅଧକ୍ଷାଭାବେ ନିର୍ବାଚିତ ହେବା ପରେ ଗ୍ରାମରେ ଉନ୍ନୟନମୂଳକ କାର୍ଯ୍ୟ ପାଇଁ ପ୍ରତିଶ୍ରୁତି ଦେଇଥିଲେ। ମାତ୍ର ୨ବର୍ଷ ଅତିକ୍ରମ କରିଯାଇଥିଲେ ମଧ ସେ ପ୍ରତିଶ୍ରୁତି ପାଳନ କରି ନ ଥିବାରୁ ଗ୍ରାମବାସୀ ତାଙ୍କୁ ବିରୋଧ କରିଥିଲେ। ଘଟଣାସ୍ଥଳରେ ବରୀ ପୋଲିସ ପହଞ୍ଚି ପରିସ୍ଥିତିକୁ ଆୟତ୍ତ କରିଥିଲା। କୌଣସି ପକ୍ଷରୁ ଲିଖିତ ଅଭିଯୋଗ କରାଯାଇନାହିଁ ବୋଲି ଥାନାଧିକାରୀ ଚକ୍ରପତି କଅଁର କହିଛନ୍ତି।

### ବିଜେଡିର ମିଶ୍ରଣ ପର୍ବ

ଧର୍ମଶାଳା,୧୪।୪(ଡି.ଏନ୍.ଏ.): ଧର୍ମଶାଳା ନିର୍ବାଚନମଣ୍ଡଳୀର ବିଭିନ୍ନ ଦଳର କର୍ମୀ ବିଜେଡି ଉପରେ ଆସ୍ଥା ପ୍ରକଟ କରି ଦୈନନ୍ଦିନ ମିଶ୍ରଣ ପର୍ବରେ ବିଜେଡିରେ ସାମିଲ ହେବାର ଦେଖିବାକୁ ମିଳୁଛି। ଏହି ପ୍ରରିପ୍ରେକ୍ଷୀରେ ରବିବାର ଅନୁଷ୍ଠିତ ଏକ ମିଶ୍ରଣପର୍ବରେ କବି ବାମଦେବ ପାଢ଼ୀ ଓ ବୃନ୍ଦାଦେଈପୁର ପଞ୍ଚାୟତର ଭାଜପା ନେତା ରାଧାକାନ୍ତ ଶତପଥୀ, ଏମ୍ପି ପ୍ରାର୍ଥୀ ଶ୍ରୀମତୀ ଶର୍ମିଷ୍ଠା ସେଠୀଙ୍କ ଉପସ୍ଥିତିରେ ଦଳରେ ସାମିଲ ହୋଇଛନ୍ତି। ସେମାନଙ୍କୁ ବିଧାୟକ ପ୍ରଣବ କୁମାର ବଳବନ୍ତରାୟ ଦଳୀୟ ଉତ୍ତରୀୟ ଦେଇ ସ୍ୱାଗତ କରିଥିଲେ।

### ମା' ଦରିଆ ନାହାକାଣୀ ପୀଠରେ ଶ୍ରଦ୍ଧାଳୁଙ୍କ ସମାଗମ

ସିଂହପୁର,୧୪।୪(ଡି.ଏନ୍.ଏ): ବିଞ୍ଝାରପୁର ବ୍ଲକ ଅନ୍ତର୍ଗତ ସିଂହପୁର ଅଞ୍ଚଳର ଅଧିଷ୍ଠାତ୍ରୀ ଦେବୀ ମା' ଦରିଆ ନାହାକାଣୀ ପୀଠରେ ରବିବାର ମହାବିଷୁବ ସଂକ୍ରାନ୍ତି ଉପଲକ୍ଷେ ୫୦ ହଜର ଶ୍ରଦ୍ଧାଳୁଙ୍କ ସମାଗମ ହୋଇଥିବା ଦେଖିବାକୁ ମିଳିଛି। ସକାଳୁ ମା'ଙ୍କ ଦର୍ଶନ ପାଇଁ ଲୋକଙ୍କ ସୁଅ ଛୁଟିଥିଲା। ମା'ଙ୍କୁ ପୂଜା କରିବା ସହ ମାନସିକ ରଖିଥିଲେ। ବିଶେଷତଃ ମହିଳାଙ୍କ ସଂଖ୍ୟା ଅଧିକ ଥିଲା। ମା' ଦରିଆ ନାହାକାଣୀ ଉନ୍ନୟନ ପରିଷଦ ତରଫରୁ କାର୍ଯ୍ୟକ୍ରମକୁ ସୂଚାରୁରୂପେ ସମ୍ପନ୍ନ କରାଯାଇଛି। ଶାନ୍ତିଶୃଙ୍ଖଳା ରକ୍ଷା ପାଇଁ ବିଞ୍ଝାରପୁର ପୋଲିସ ମୁତୟନ ହୋଇଥିଲା। ମା' ବିରଜା ଭଜନ ଗ୍ରୁପ୍ ପକ୍ଷରୁ ଭଜନ ସମାରୋହ କରାଯାଇଥିଲା। ରମାକାନ୍ତ, ତ୍ରୈଲୋଚନ, କାର୍ତ୍ତିକ, କିଶୋର ପ୍ରମୁଖ ଭଜନ ପରିବେଷଣ କରିଥିଲେ। ପଞ୍ଚଭୂତ ମହାଯଜ୍ଞ ଗତ ୧୧ ତାରିଖଠାରୁ ଆରମ୍ଭ ହୋଇ ରବିବାର ପୂର୍ଣ୍ଣାହୁତି ଦିଆଯାଇଛି। ବିଷୁବ ସଂକ୍ରାନ୍ତି ଉପଲକ୍ଷେ ମା'ଙ୍କ ପୀଠକୁ ବିଞ୍ଝାରପୁର, ଦଶରଥପୁର, ଯାଜପୁର, ବରୀ, ଆଳି ବ୍ଲକରୁ ଭକ୍ତଙ୍କ ସମାଗମ ହୋଇଥିଲା।

# ନେତାଙ୍କୁ ଅଡୁଆ ପାନୀୟ ଜଳ ସମସ୍ୟା

■ଗ୍ରାମବାସୀଙ୍କ ପ୍ରଶ୍ନବାଣରେ ନେତାଙ୍କ ମୁହଁ ବନ୍ଦ

■୧୫୯୭ରୁ ୪୨୩ ଗ୍ରାମର ବାସିନ୍ଦା ଉପକୃତ

ଯାଜପୁର ଅଫିସ,୧୪।୪

ଯାଜପୁର ଜିଲାର ସମୁଦାୟ ୧୫୯୭ ରାଜସ୍ୱ ଗ୍ରାମରୁ ୩୦୧ଟି ପ୍ରକଳ୍ପ ମାଧ୍ୟମରେ ମାତ୍ର ୪୨୩ଟି ଗ୍ରାମକୁ ପାଇପ୍ ଜଳ ଯୋଗାଣ ସମ୍ଭବ ହୋଇପାରିଛି। ବାକି ୧୧୭୪ ଗ୍ରାମର ବାସିନ୍ଦା ନଳକୂପ ପାଣି ଉପରେ ଭରସା କରୁଛନ୍ତି। ସମ୍ପ୍ରତି ଗ୍ରୀଷ୍ମଋତୁ ଆରମ୍ଭ ହୋଇଯାଇଥିବାବେଳେ ଜଳସ୍ତର ନିମ୍ନଗାମୀ ହେବା ସହିତ ନଳକୂପରୁ ଆବଶ୍ୟକ ପାଣି ବାହାରୁ ନାହିଁ। ଏହାବାଦ ଅଧିକାଂଶ ନଳକୂପରେ ପାନୀୟ ଉପଯୋଗୀ ପାଣି ବାହାରୁ ନ ଥିବାରୁ ଜିଲାରେ କିଡ୍‌ନୀ ରୋଗ ଭଳି ସମସ୍ୟା ଦେଖାଦେଇଛି। ଏହି ସମୟରେ ସାଧାରଣ ନିର୍ବାଚନ ଚାଲିଥିବାବେଳେ ପାନୀୟ ଜଳ ସମସ୍ୟା ନେତାଙ୍କୁ ଅଡୁଆରେ ପକାଇଛି। ଦୀର୍ଘ ୧୯ ବର୍ଷର ଶାସନରେ ଜିଲାର ୭୪ ପ୍ରତିଶତ ଗ୍ରାମର ଲୋକଙ୍କୁ ସ୍ୱଚ୍ଛ ପାନୀୟ ଜଳ ଯୋଗାଇ ନ ପାରିବା ଶାସକ ଦଳର କାର୍ଯ୍ୟ ଦକ୍ଷତା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ପାଇପ ଜଳ ଯୋଗାଣରେ ଉପକୃତ ହେଉ ନ ଥିବା ଗ୍ରାମବାସୀଙ୍କ ପ୍ରଶ୍ନବାଣରେ ନେତାଙ୍କ ମୁହଁ ବନ୍ଦ ହୋଇଯାଉଥିବା ଚର୍ଚ୍ଚା ହେଉଛି।

ପାନୀୟ ସମସ୍ୟା ଦୂର କରିବାକୁ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ପକ୍ଷରୁ କୋଟିକୋଟି ଟଙ୍କା ଅନୁଦାନ ଆସିଛି। କିନ୍ତୁ ଏହି ଅନୁଦାନ ଠିକ ମାର୍ଗରେ ଖର୍ଚ୍ଚ ହୋଇ ନ ଥିବାରୁ ପାନୀୟ ସମସ୍ୟା ଦେଖାଦେଇଛି। ନିର୍ବାଚିତ ଲୋକ ପ୍ରତିନିଧିଙ୍କ କର୍ମୀ ଜଳଯୋଗାଣ ପ୍ରକଳ୍ପରେ ଠିକା କାର୍ଯ୍ୟ କରୁଥିବାରୁ ବିଭାଗୀୟ ଅଧିକାରୀମାନେ କଡ଼ା ପଦକ୍ଷେପ ଗ୍ରହଣ କରି ପାରିନାହାନ୍ତି। ଅନ୍ୟପକ୍ଷେ ଲୋକ ପ୍ରତିନିଧିମାନେ କେବଳ ବିଧାନସଭାରେ ପ୍ରଶ୍ନ କରି ନିଜ ଦାୟିତ୍ୱ ସମ୍ପାଦନ କରିଛନ୍ତି। ବିଭିନ୍ନ ପ୍ରଶ୍ନର ଉତ୍ତରରେ ବିଭାଗୀୟ ନିର୍ବାହୀ ଯନ୍ତ୍ରୀ ଚାଲାକିରେ ଉତ୍ତର ଦେଇ ବିଧାୟକଙ୍କ ମୁହଁ ବନ୍ଦ କରି ଦେଉଛନ୍ତି। ସମସ୍ତ ନଳକୂପଗୁଡ଼ିକ ଗ୍ରାମ ପଞ୍ଚାୟତକୁ ହସ୍ତାନ୍ତର ହୋଇଛି। ସରକାରଙ୍କ ଚତୁର୍ଦ୍ଦଶ ଅର୍ଥ କମିଶନଙ୍କ ଦ୍ୱାରା ପ୍ରଦତ୍ତ ଅନୁଦାନରୁ ସମସ୍ତ ମରାମତି କାର୍ଯ୍ୟ କରିବାକୁ ପଞ୍ଚାୟତିରାଜ ବିଭାଗକୁ ନିର୍ଦ୍ଦେଶ ଦିଆଯାଇଛି। ବିଦ୍ୟୁତ ସଂଯୋଗ ହୋଇ ନ ଥିବାରୁ ବର୍ତ୍ତମାନ ସୁଦ୍ଧା ଜଳଯୋଗାଣ ସମ୍ଭବ ହୋଇ ନାହିଁ। ଜିଲାରେ ପାନୀୟ ଜଳ ଅଭାବ ହେବା ଭଳି ପରିସ୍ଥିତି ବର୍ତ୍ତମାନ ସୁଦ୍ଧା ନଜରକୁ ଆସି ନାହିଁ। ସରକାରଙ୍କଠାରୁ ଆର୍ଥିକ ଅନୁଦାନ ଅନୁଯାୟୀ ପ୍ରକଳ୍ପଗୁଡ଼ିକର କାର୍ଯ୍ୟ ହାତକୁ ନିଆଯିବାର ଯୋଜନା ରହିଛି। ଅନୁଦାନର ବିନିଯୋଗ ଟେଣ୍ଡର ମାଧ୍ୟମରେ ବିଭିନ୍ନ ଠିକାଦାରଙ୍କ ଜରିଆରେ ଖର୍ଚ୍ଚ କରାଯାଇଛି ଭଳି ଅନେକ ଉତ୍ତର ରଖାଯାଉଛି। କିନ୍ତୁ ବାସ୍ତବରେ ଜିଲାର ଆଭ୍ୟାନ୍ତରୀଣରେ ଖରା ମାସରେ ପାଣି ପାଇଁ ଗ୍ରାମବାସୀ ହାହାକାର ହେଉଛନ୍ତି। ଜିଲାରେ ଅନେକ ନଦୀ ପ୍ରବାହିତ ହେଉଛି। ସେଥିରୁ ବ୍ରାହ୍ମଣୀ ଓ ଖରସ୍ରୋତାରୁ ୧୫ଟି ଶିଳ୍ପ କମ୍ପାନୀ ଜଳ ବ୍ୟବହାର କରୁଛନ୍ତି। କିନ୍ତୁ ପାନୀୟ ଜଳ ପାଇଁ ଜିଲାବାସୀଙ୍କୁ ଏଯାଏ ଗୋଟିଏ ବି ନଦୀଜଳ ପ୍ରକଳ୍ପ କାର୍ଯ୍ୟକ୍ଷମ ହୋଇପାରି ନାହିଁ। ଜିଲାର ୧୦ଟି ବ୍ଲକରେ ୧୫୯୭ଟି ରାଜସ୍ୱ ଗ୍ରାମରେ ୩,୭୮,୬୪୫ ପରିବାର ବାସ କରୁଛନ୍ତି। ୨୦୨୨ ସୁଦ୍ଧା ସମସ୍ତ ଗ୍ରାମକୁ ପାଇପ୍ ଜଳଯୋଗାଣ କରିବାକୁ କେନ୍ଦ୍ର ସରକାର ସମୟ ସୀମା ଧାର୍ଯ୍ୟ କରିଛନ୍ତି। କିନ୍ତୁ ଯୋଜନା କାର୍ଯ୍ୟକାରୀ ହେବାର ଦୀର୍ଘ ୧୨ ବର୍ଷ ବିତିଯାଇଥିଲେ ମଧ ମାତ୍ର ୨୬ ପ୍ରତିଶତ ଗ୍ରାମାଞ୍ଚଳ ଲୋକେ ବିଶୁଦ୍ଧ ପାନୀୟ ଜଳ ପାଇବାରେ ସକ୍ଷମ ହୋଇପାରିଛନ୍ତି। ଜାତୀୟ ଗ୍ରାମୀଣ ପାନୀୟ ଜଳଯୋଗାଣ କାର୍ଯ୍ୟକ୍ରମ (ଏନ୍‌ଆର୍‌ଡବ୍ଲ୍ୟୁ) ଅନୁଯାୟୀ ଉଭୟ କେନ୍ଦ୍ର ଓ ରାଜ୍ୟ ସରକାର ୫୦ ପ୍ରତିଶତ ଲେଖାଏଁ ଅନୁଦାନ ଦେଉଛନ୍ତି। ବଡଚଣା ବ୍ଲକରେ ୨୨୬ଟି ଗ୍ରାମରୁ ୫୩, ବରୀ ବ୍ଲକରେ ୯୭ଟି ଗ୍ରାମରୁ ୩୮, ଧର୍ମଶାଳାର ୨୪୭ ଗ୍ରାମରୁ ୫୯, ରସୁଲପୁର ବ୍ଲକର ୧୬୧ରୁ ୪୧, ଯାଜପୁର ବ୍ଲକର ୧୮୨ରୁ ୪୪, ବିଞ୍ଝାରପୁରର ୧୦୬ରୁ ୩୭, ଦଶରଥପୁରର ୧୫୧ରୁ ୫୧, ସୁକିନ୍ଦାର ୧୦୫ରୁ ୩୧, କୋରେଇର ୨୧୬ରୁ ୪୮ ଓ ଦାନଗଦୀ ବ୍ଲକର ୧୦୬ ଗୋଟି ରାଜସ୍ୱ ଗ୍ରାମରୁ ୨୧ ରାଜସ୍ୱ ଗ୍ରାମକୁ ପାଇପ୍ ଯୋଗେ ପାନୀୟ ଜଳ ଯୋଗାଇ ଦିଆଯାଇଛି। କିନ୍ତୁ ବାସ୍ତବ ପକ୍ଷେ ସେଥିରୁ ୩୦ରୁ ଊର୍ଦ୍ଧ୍ୱ ପ୍ରକଳ୍ପ ଅଚଳ ରହୁଛି। ଅଧିକାଂଶ ପ୍ରକଳ୍ପରୁ ଲୋକେ ପାଇପ ଜଳ ପାଉ ନାହାନ୍ତି। ବିଶେଷ କରି ଜିଲାର ଭୂତଳ ଜଳରେ ବହୁ ପରିମାଣରେ ମେଟାଲିକ ଅଂଶ ରହିଥିବା ଏକ ପରୀକ୍ଷାରୁ ଜଣାପଡିଛି। ତେଣୁ ନଦୀନାଳରୁ ପାଣି ବିଶୋଧନ କରି ପାଇପ ଯୋଗେ ଜଳଯୋଗାଣ କରାଗଲେ ଜିଲାବାସୀ ସ୍ୱଚ୍ଛ ପାନୀୟ ପାଇପାରିବେ ବୋଲି ଗ୍ରାମବାସୀ ଦାବି କରି ଆସୁଥିଲେ ହେଁ ସରକାର ଏଥିରେ ବିଫଳ ହୋଇଥିବା ଚର୍ଚ୍ଚା ହେଉଛି। ଯାହାକି ଚଳିତ ନିର୍ବାଚନରେ ଏହାର ଗଭୀର ପ୍ରଭାବ ପକାଇବ ବୋଲି ରାଜନୈତିକ ମହଲରେ ଚର୍ଚ୍ଚା ହେଉଛି।

## ବରିଷ୍ଠ ନାଗରିକ ମଞ୍ଚ ପକ୍ଷରୁ ପଣା ବଣ୍ଟନ

କୋରେଇ,୧୪।୪(ସ୍ୱ.ପ୍ର.)

ପବିତ୍ର ମହାବିଷୁବ ସଂକ୍ରାନ୍ତି ଓ ଓଡ଼ିଆ ନବବର୍ଷ ଉପଲକ୍ଷେ ପାଣିକୋଇଲିସ୍ଥିତ ବରିଷ୍ଠ ନାଗରିକ ମଞ୍ଚ ସଦସ୍ୟଙ୍କ ତରଫରୁ ରବିବାର ବଜାରଠାରେ ବିଷୁବ ମିଳନ ଓ ପଣା ବଣ୍ଟନ କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି। ସ୍ଥାନୀୟ ଜନସାଧାରଣ ଓ ପଥଚାରୀଙ୍କୁ ବେଲ ପଣା ପ୍ରଦାନ କରାଯାଇଛି। ଉକ୍ତ କାର୍ଯ୍ୟକ୍ରମରେ ମଞ୍ଚ ସଭାପତି ନୃସିଂହ ଚରଣ ଦଳାଇ, ସମ୍ପାଦକ ସୁରେନ୍ଦ୍ର ରାୟ, ଗୋକୁଳାନନ୍ଦ ମହାରଣା, ମଧୁସୂଦନ ରାଉତ, ଚନ୍ଦ୍ରମଣି ସ୍ୱାଇଁ, ବାବାଜୀ ଚରଣ ରାଉତ, ପୁରୁଷୋତ୍ତମ ବାରିକ, ନିରଞ୍ଜନ ରାଉତ, ରଘୁନାଥ ମାଝି, ଉମାକାନ୍ତ ଖଣ୍ଡାଇ, ଶେଖ ଜାହାଙ୍ଗିର, ରାମଚନ୍ଦ୍ର ମଲିକ, ରାଧେଶ୍ୟାମ ସାହୁ, ନିରଞ୍ଜନ ମହାପାତ୍ର ପ୍ରମୁଖ ଉପସ୍ଥିତ ରହିଥିବା ବେଳେ ପାଣିକୋଇଲି ସମିତି ସଭ୍ୟ ଜହର ଅଲ୍ଲୀ, ଅରୁପାନନ୍ଦ ମଲ୍ଲିକ, ସନ୍ଦୀପ ନାୟକ ପ୍ରମୁଖ ସହଯୋଗ କରିଥିଲେ।

## ମହିଳା ଶିଳ୍ପୀ, ପ୍ରଶିକ୍ଷିକାଙ୍କୁ ପରିଚୟପତ୍ର,ପୋଷାକ ବଣ୍ଟନ



ସମ୍ମାନିତ ହୋଇଥିବା ମହିଳା କାରିଗର ଓ ପ୍ରଶିକ୍ଷିକା।

ରସୁଲପୁର,୧୪।୪(ଡିଏନଏ)

ଯାଜପୁର ଜିଲା ହସ୍ତଶିଳ୍ପୀ ସଂଘ ପକ୍ଷରୁ ମହିଳା ଶିଳ୍ପୀ ଓ ପ୍ରଶିକ୍ଷିକା (ଏମ୍‌ସିଏମ୍)ଙ୍କୁ ପରିଚୟପତ୍ର ଓ ପୋଷାକ ବଣ୍ଟନ କରାଯାଇଛି। ଏ ନେଇ ରସୁଲପୁର ବ୍ଲକ କୁଆଖିଆସ୍ଥିତ ଅଭିମନ୍ୟୁ ସାମନ୍ତ ସିଂହାର ଭବନରେ ରାଜ୍ୟସଭା ଏମ୍ପି ତଥା ଶିଳ୍ପୀଗୁରୁ ରଘୁନାଥ ମହାପାତ୍ର ଜିଲା ସଂଘ ଉଦ୍‌ଘାଟନୀ ଉତ୍ସବରେ ଯୋଗଦେଇ ମହିଳା କାରିଗରଙ୍କ ଉଦ୍ଦେଶ୍ୟରେ ଘୋଷଣା କରିଥିଲେ। କାରିଗରୀ କ୍ଷେତ୍ରରେ ମହିଳାଙ୍କର ଅନନ୍ୟ ଅବଦାନ ରହିଛି । ମହାପାତ୍ର ମାର୍ଚ୍ଚ ୩ରେ ଅନୁଷ୍ଠିତ ଉତ୍ସବରେ ମହିଳାଙ୍କୁ ଯଥା ସମ୍ମାନ ପ୍ରଦାନ କରିବେ ବୋଲି ଘୋଷଣା କରିଥିଲେ। ସଂଘ ପକ୍ଷରୁ ଉକ୍ତ ପ୍ରତିଶ୍ରୁତିକୁ ପାଳନ ପୂର୍ବକ ରବିବାର ଧର୍ମଶାଳା ବ୍ଲକ ଅନ୍ତର୍ଗତ କମାଗଡ ହିଙ୍ଗୁଳାପୀଠରେ ଦକ୍ଷ ମହିଳା କାରିଗର ଓ ପ୍ରଶିକ୍ଷକଙ୍କୁ ୟୁନିଫର୍ମ ଓ ପରିଚୟପତ୍ର ପ୍ରଦାନ କରାଯାଇଛି । ସଂଘ ସଭାପତି ପର୍ଶୁରାମ ବେହେରାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବଣ୍ଟନ ମେଳାରେ ମୁଖ୍ୟ ଅତିଥି ଭାବେ ସଂଘର ଅଧ୍ୟକ୍ଷ ଜାତୀୟ ପୁରସ୍କାରପ୍ରାପ୍ତ ପ୍ରସ୍ତର ଶିଳ୍ପୀ ମହେଶ୍ୱର ଓଝା, ଦକ୍ଷ କାରିଗର ମନୋଜ ନାଥ, ବ୍ରହ୍ମାନନ୍ଦ ମହାରଣା, ସୁରେଶ ଗୁଇଁ, ପ୍ରଭାତ ରଂଜନ ମହାରଣା, ପ୍ରିୟନାଥ ଓଝା, ଅକ୍ଷୟ ଓଝା, ଅଶୋକ ମହାରଣା, ସଂଧ୍ୟାରାଣୀ ପଣ୍ଡା, ଲକ୍ଷ୍ମୀପ୍ରିୟା ମହାରଣା, ଖଗେଶ୍ୱର ମଲ୍ଲିକ, ଆଲୋକ ମହାନ୍ତି, ଛାୟା ରାଉତ, ସରସ୍ୱତୀ ଓଝା ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଏଥିସହ କାରିଗର ଭାଗ୍ୟବତୀ ଓଝା, ଚଞ୍ଚଳା ମଲିକ, ନରେନ୍ଦ୍ର ସାହୁ, ଇତିଶ୍ରୀ ଗୁରୁ, ଶାନ୍ତିଲତା ବରାଳ ପ୍ରମୁଖ ବିବରଣୀ ପାଠ, ସ୍ୱାଗତ ଭାଷଣ, ଅତିଥି ପରିଚୟ ଓ ଧନ୍ୟବାଦ ଅର୍ପଣ କରିଥିଲେ। ଉକ୍ତ କାର୍ଯ୍ୟକ୍ରମରେ ଶତାଧିକ ମହିଳା କାରିଗର ଓ ପ୍ରଶିକ୍ଷିକାଙ୍କୁ ସମ୍ମାନିତ କରାଯାଇଥିଲା।

## ବିଜେଡିର ନୂତନ ରଣ କୌଶଳରେ ୧୮ ପଞ୍ଚାୟତ ସାମିଲ

ବରୀ,୧୪।୪(ସ୍ୱ.ପ୍ର.)

ବରୀ ବିଧାନସଭା ନିର୍ବାଚନମଣ୍ଡଳୀ ୪୭ ପଞ୍ଚାୟତକୁ ନେଇ ଗଠିତ। ଏଥିରେ ବରୀ ବ୍ଲକର ୨୯, ରସୁଲପୁର ବ୍ଲକର ୧୦ ଓ ଯାଜପୁର ବ୍ଲକର ୮ ପଞ୍ଚାୟତ ରହିଛି। ବରୀ ବିଜେଡିର ନୂତନ ରଣ କୌଶଳ ଶୁକ୍ରବାରଠାରୁ ଆରମ୍ଭ ହୋଇଛି। ଏଥିରେ ରସୁଲପୁର ବ୍ଲକର ୧୦ ଓ ଯାଜପୁର ବ୍ଲକର ୮ ପଞ୍ଚାୟତ ଉପରେ ବିଜେଡି ଦୈନିକ ନୂଆ ନୂଆ କୌଶଳ ପ୍ରଣୟନ କରୁଛି। ବିଜେଡିର ଏଭଳି କୌଶଳରେ ପ୍ରତିଦ୍ୱନ୍ଦ୍ୱୀ ଭାଜପା ଓ କଂଗ୍ରେସ ମଧ୍ୟରେ ଛନକା ପଶିଯାଇଥିବା ଶୁଣିବାକୁ ମିଳୁଛି। ଧର୍ମଶାଳା ବିଧାୟକ ପ୍ରଣବ ବଳବନ୍ତରାୟ ରସୁଲପୁରର ୧୦ ପଞ୍ଚାୟତ ଓ ଯାଜପୁର ବିଧାୟକ ପ୍ରଣବ ପ୍ରକାଶ ଦାସ ଯାଜପୁରର ୮ ପଞ୍ଚାୟତର ମଙ୍ଗ ଧରିଛନ୍ତି। ଏ ନେଇ ପ୍ରଣବଙ୍କ ଯୁବବାହିନୀ ଦୈନିକ କସରତ ଆରମ୍ଭ କରିଦେଇଥିବା ଦେଖିବାକୁ ମିଳିଛି। ବିଧାୟକ ଦ୍ୱୟ ଅସନ୍ତୁଷ୍ଟ ବିଜେଡି କର୍ମୀଙ୍କୁ ସନ୍ତୁଷ୍ଟ କରିବା ପାଇଁ ଅଣ୍ଟା ଭିଡିଛନ୍ତି। ସେହିପରି ବରୀ ବିଜେଡିର ମଙ୍ଗ ଧରିଛନ୍ତି ପ୍ରାର୍ଥିନୀ ସୁନନ୍ଦା ଦାସ। ଛାତ୍ର ନେତା ମନୋଜ ନାୟକ ସୁନନ୍ଦାଙ୍କୁ ସହଯୋଗ କରୁଛନ୍ତି। ଶନିବାର ରମ୍ଭା, ଅରଙ୍ଗାବାଦ, ବରୀ ପଞ୍ଚାୟତରେ ସୁନନ୍ଦା ଭୋଟ ଭିକ୍ଷା କରିଥିବା ଦେଖିବାକୁ ମିଳିଛି। ତୃତୀୟ ଦିନ ପ୍ରଚାରରେ ନୂଆ କୌଶଳ ଯୋଗୁ ଭୋଟର ଆକୃଷ୍ଟ ହେଉଥିବା ଜଣାପଡ଼ିଛି। ବିଶ୍ୱମ୍ଭର ପଣ୍ଡା, ସୌମ୍ୟରଞ୍ଜନ ସାମଲ, ଉଜ୍ଜ୍ୱଳ ଦାସ, ପ୍ରଶାନ୍ତ ସାହୁ, ଅକ୍ଷୟ ବେହେରା, ଅନିଲ ସାମଲ ପ୍ରମୁଖ ଶତାଧିକ କର୍ମୀ ସାମିଲ ହୋଇଥିଲେ।

## 'ଗଣମାଧ୍ୟମ ଖବର ପରିବେଷଣରେ ସତର୍କତା ଅବଲମ୍ବନ କରିବା ଜରୁରୀ'

ଯାଜପୁର ଟାଉନ,୧୪।୪(ଡି.ଏନ୍.ଏ.)

ନିର୍ବାଚନକୁ ସୁଚାରୁରୂପେ ପରିଚାଳନା କରିବା ପାଇଁ ଜିଲା ଡିଆରଡିଏ ସମ୍ମିଳନୀ କକ୍ଷରେ ରବିବାର ଜିଲାପାଳ ରଞ୍ଜନ କୁମାର ଦାସଙ୍କ ପକ୍ଷରୁ ଏକ ବୈଠକ କରାଯାଇଛି। ଭାରତର ନିର୍ବାଚନ ଆୟୁକ୍ତ ନିର୍ବାଚନକୁ ମୁକ୍ତ, ଅବାଧ ଓ ନିରପେକ୍ଷ ଭାବେ ପରିଚାଳନା ପାଇଁ ବିଭିନ୍ନ ପଦକ୍ଷେପ ଗ୍ରହଣ କରିଛନ୍ତି। ନିର୍ବାଚନରେ ବେଆଇନ ଅର୍ଥ, ମାଦକ ଦ୍ରବ୍ୟ ଇତ୍ୟାଦିର ଚାଲାଣରେ ଅଙ୍କୁଶ ଲଗାଇବା ପାଇଁ ଫ୍ଲାଇଂ ସ୍କ୍ୱାଡ ଓ ଷ୍ଟାଟିକ୍ ସର୍ଭିଲାନ୍ସ ସହ ସିଭିଜିଲର ବ୍ୟବସ୍ଥା କରି ସୁନିୟନ୍ତ୍ରିତ ପଦକ୍ଷେପ ନେଇଛନ୍ତି। ସେହିପରି ବିଭିନ୍ନ ଗଣମାଧ୍ୟମ ଓ ସୋସିଆଲ ମିଡିଆଗୁଡ଼ିକୁ ରାଜନୈତିକ ଦଳ ଓ ପ୍ରାର୍ଥୀମାନେ ଯେପରି ଅପବ୍ୟବହାର ନ କରନ୍ତି ସେଥିପାଇଁ କଡା ନଜର ରଖାଯାଇଛି। ଏହାର ପରିଚାଳନା ପାଇଁ ରାଜ୍ୟ ଓ ଜିଲାସ୍ତରରେ ଏମ୍‌ସିଏମ୍‌ସି ବା ମିଡିଆ ସାର୍ଟିଫିକେସନ ଓ ମିଡିଆ ମନିଟରିଂ ସେଲର ବ୍ୟବସ୍ଥା କରାଯାଇଛି। ଗଣମାଧ୍ୟମରେ ପ୍ରକାଶିତ ବିଜ୍ଞାପନ ବା ସମ୍ବାଦକୁ ଅନୁଧ୍ୟାନ କରାଯାଉଛି। ବିଜ୍ଞାପନଗୁଡିକ ରାଜ୍ୟ ବା ଜିଲାସ୍ତରୀୟ ଏମ୍‌ସିଏମ୍‌ସି କମିଟିରେ ଅନୁମୋଦିତ ହୋଇଥିବା ବାଞ୍ଛନୀୟ। ତେବେ ଅନେକ କ୍ଷେତ୍ରରେ ବିଭିନ୍ନ ଗଣମାଧ୍ୟମରେ ସମ୍ବାଦ ଆକାରରେ ଏପରି କିଛି ତଥ୍ୟ ପ୍ରକାଶିତ ହୋଇଥାଏ ଯାହା ବିଜ୍ଞାପନ ନୁହେଁ କିନ୍ତୁ ପ୍ରାର୍ଥୀ ବା ରାଜନୈତିକ ଦଳ ସପକ୍ଷରେ ଲେଖା ହୋଇଥାଏ। ଯାହା ପେଡ୍ ନ୍ୟୁଜ ହିସାବରେ ଗଣ୍ୟ କରାଯାଇ ପ୍ରାର୍ଥୀଙ୍କୁ ନୋଟିସ ମାଧ୍ୟମରେ ବିବିଧ ପ୍ରକ୍ରିୟା ଦ୍ୱାରା ପ୍ରାର୍ଥୀଙ୍କ ଖର୍ଚ୍ଚ ତାଲିକାରେ ଯୋଡା ଯିବାର ନିୟମ ରହିଛି। ଅପରପକ୍ଷରେ ସମ୍ବାଦପତ୍ରଗୁଡ଼ିକରେ ଅପମାନଜନକ ଓ ବିଭ୍ରାନ୍ତିକର ବିଜ୍ଞାପନମାନ ଅତୀତରେ ପ୍ରକାଶିତ ହୋଇଥିବାର ନିର୍ବାଚନ କମିଶନଙ୍କ ଦୃଷ୍ଟିକୁ ଆସିଛି। ନିର୍ବାଚନର ଶେଷ ସୋପାନରେ ଏହିପରି ବିଜ୍ଞାପନ ସମଗ୍ର ନିର୍ବାଚନ ପଦ୍ଧତିକୁ କ୍ଷତି ପହଞ୍ଚାଇଥାଏ। ଏହାଦ୍ୱାରା କ୍ଷତିଗ୍ରସ୍ତ ହେଉଥିବା ପ୍ରାର୍ଥୀ ଓ ରାଜନୈତିକ ଦଳ ଗୁଡିକ ଏ ସମ୍ବନ୍ଧରେ ସ୍ପଷ୍ଟୀକରଣ ଦେବା ବା ଖଣ୍ଡନ କରିବାର ସୁଯୋଗ ପାଇପାରନ୍ତିନାହିଁ। ଏହିପରି ଘଟଣାର ପୁନରାବୃତ୍ତି ନ ହେବା ତଥା ଏହିଭଳି ବିଭ୍ରାନ୍ତିକର, ଉତ୍ତେଜନା ସୃଷ୍ଟିକାରୀ ଓ ଘୃଣ୍ୟ ବିଜ୍ଞାପନ ଯୋଗୁ କୌଣସି ଅପ୍ରୀତିକର ପରିସ୍ଥିତି ସୃଷ୍ଟି ନ ହେବା ପାଇଁ ସମ୍ବିଧାନର ଧାରା ୩୨୪ ଦ୍ୱାରା ପ୍ରଦତ୍ତ କ୍ଷମତା ବଳରେ କମିଶନ ପଦକ୍ଷେପ ନେଇଛନ୍ତି। କୌଣସି ରାଜନୈତିକ ଦଳ, ପ୍ରାର୍ଥୀ କିମ୍ବା ଅନ୍ୟ ସଙ୍ଗଠନ ମତଦାନ ଦିବସ ଓ ତାର ପୂର୍ବଦିନ ପ୍ରକାଶିତ ହେଉଥିବା କୌଣସି ସମ୍ବାଦପତ୍ରରେ ରାଜ୍ୟ ବା ଜିଲାସ୍ତରୀୟ ଗଣମାଧ୍ୟମ ପ୍ରମାଣୀକରଣ ଓ ପର୍ଯ୍ୟାଲୋଚନା କମିଟି (ଏମ୍‌ସିଏମ୍‌ସି) ଦ୍ୱାରା ପ୍ରାକ୍ ପ୍ରମାଣିତ ହୋଇ ନ ଥିବା କୌଣସି ବିଜ୍ଞାପନ ପ୍ରକାଶିତ ହୋଇପାରିବନାହିଁ ବୋଲି ଜିଲା ନିର୍ବାଚନ ଅଧିକାରୀ ତଥା ଜିଲାପାଳ ରଞ୍ଜନ କୁମାର ଦାସ ସୂଚନା ଦେଇଛନ୍ତି।

## ଅନୁପସ୍ଥିତ ଅଧିକାରୀଙ୍କୁ କାରଣ ଦର୍ଶାଅ ନୋଟିସ୍

ଯାଜପୁର ଟାଉନ,୧୪।୪(ଡି.ଏନ୍.ଏ.)

**ନିର୍ବାଚନ ପାଇଁ ଛୁଟି ବାତିଲ୍**

ନିର୍ବାଚନ ପରିପ୍ରେକ୍ଷୀରେ ସମସ୍ତ ଅଧିକାରୀ ଓ କର୍ମଚାରୀଙ୍କ ଛୁଟି ବାତିଲ କରାଯାଇଛି। ଏହାସତ୍ତ୍ୱେ କେତେଜଣ ବରିଷ୍ଠ ଅଧିକାରୀ ଛୁଟିରେ ଯିବା ଅତ୍ୟନ୍ତ ନିନ୍ଦନୀୟ କାର୍ଯ୍ୟ ବୋଲି ଜିଲାପାଳ ତଥା ଜିଲା ନିର୍ବାଚନ ଅଧିକାରୀ ରଞ୍ଜନ କୁମାର ଦାସ କ୍ଷୋଭର ସହ ମତ ଦେଇଛନ୍ତି। ଅଧିକାରୀ ଓ କର୍ମଚାରୀଙ୍କ ନାମ ଗୋପନ ରଖି ଜିଲାପାଳ ତାଗିଦ୍ କରିବା ସହ ରବିବାର ସେମାନଙ୍କୁ କାରଣ ଦର୍ଶାଅ ନୋଟିସ ଜାରି କରିଛନ୍ତି। ଏହି ଅଧିକାରୀଙ୍କୁ ନିର୍ବାଚନର ଅନେକ ଗୁରୁତ୍ୱପୂର୍ଣ୍ଣ ଦାୟିତ୍ୱ ଦିଆଯାଇଛି। ତେବେ ଜିଲାପାଳଙ୍କୁ ବିନା ସୂଚନାରେ ହେଡକ୍ୱାର୍ଟର ଛାଡିବା ଦ୍ୱାରା ଅନେକ କାର୍ଯ୍ୟ ପ୍ରଭାବିତ ହେଉଛି। ଏପରିକି ଅଧିକାରୀମାନେ ହେଡ୍‌କ୍ୱାର୍ଟରରେ ଅନୁପସ୍ଥିତ ଥିବାରୁ ତାଙ୍କ ଅଧୀନରେ ଥିବା କର୍ମଚାରୀ ମଧ ଅନୁପସ୍ଥିତ ରହୁଛନ୍ତି। ଭବିଷ୍ୟତରେ ଯେପରି ଏଭଳି ଘଟଣାର ପୁନରାବୃତ୍ତି ନ ହୁଏ, ସେଥିପାଇଁ କଡା ଆଭିମୁଖ୍ୟ ନେଇ ଜିଲାପାଳ ଉକ୍ତ ଅଧିକାରୀଙ୍କୁ ସ୍ପଷ୍ଟୀକରଣ ମାଗିଛନ୍ତି।

## ସ୍ମାର୍ଟ ଗ୍ରୁପ ପକ୍ଷରୁ ଜଳଛତ୍ର, ସଡ଼କ ସୁରକ୍ଷା ଅଭିଯାନ



ଜଳଛତ୍ର ଖୋଲାଯାଇଥିବା ସ୍ଥାନରେ ସ୍ମାର୍ଟ ଗ୍ରୁପର ସଦସ୍ୟମାନେ।

ବିଞ୍ଝାରପୁର,୧୪।୪(ଡି.ଏନ.ଏ)

ମହାବିଷୁବ ସଂକ୍ରାନ୍ତି ଅବସରରେ ରବିବାର ବିଞ୍ଝାରପୁର ବ୍ଲକ ଚିକଣା ପଞ୍ଚାୟତ ଚିକଣା ଛକରେ ସ୍ୱେଚ୍ଛାସେବୀ ଅନୁଷ୍ଠାନ 'ଦି ସ୍ମାର୍ଟ' ପକ୍ଷରୁ ସଡ଼କ ସୁରକ୍ଷା ଅଭିଯାନ ଓ ଜଳଛତ୍ର କାର୍ଯ୍ୟକ୍ରମ ଆରମ୍ଭ ହୋଇଛି। ଏହି ସଂଗଠନ ପକ୍ଷରୁ ସଡ଼କ ସୁରକ୍ଷା ପାଇଁ ଜନ ସଚେତନତା କାର୍ଯ୍ୟକ୍ରମ କରାଯିବା ସହିତ ଗାଡ଼ି ଚାଳକଙ୍କୁ ହେଲମେଟ ଓ ସିଟ୍ ବେଲ୍ଟ ବ୍ୟବହାର ପାଇଁ ପରାମର୍ଶ ଦିଆଯାଇଥିଲା। ପଥଚାରୀଙ୍କୁ ଅନୁଷ୍ଠାନ ପକ୍ଷରୁ ପଣା ସରବତ ବଣ୍ଟନ କରାଯାଇଥିଲା। ଏହି କାର୍ଯ୍ୟକ୍ରମ ଏକ ମାସ ବ୍ୟାପୀ ଚାଲିବ ବୋଲି ସଂଗଠନ ପକ୍ଷରୁ ସୂଚନା ଦିଆଯାଇଛି। କାର୍ଯ୍ୟକ୍ରମକୁ ସରୋଜ କୁମାର ନାୟକ, ପ୍ରଭାତ କୁମାର ରାଉତ, ରଶ୍ମିରଞ୍ଜନ ରାଉତ, ଅଭୟ କୁମାର ସାହୁ, ପ୍ରତାପ ବେଉରିଆ, ଧିରେନ୍ଦ୍ର ସାହୁ, ପ୍ରଭାତ ସାହୁ ପ୍ରମୁଖଙ୍କ ସମେତ ଦି ସ୍ମାର୍ଟ ଗ୍ରୁପର ସମସ୍ତ ସଦସ୍ୟ ଯୋଗ ଦେଇଥିଲେ। ସେହିପରି ବିଞ୍ଝାରପୁର ବ୍ଲକର ବିଞ୍ଝାରପୁର, ରସିକ ଛକ, ମଇନ୍ଦା, ପ୍ରୀତିପୁର, ଶାସନ୍ଦା, ଅରେଇ, କପିଳା, ସିଂହପୁର ଆଦି ସ୍ଥାନରେ ବିଭିନ୍ନ ସଂଗଠନ ପକ୍ଷରୁ ଜଳଛତ୍ର ଖୋଲାଯାଇ ପଥଚାରୀଙ୍କୁ ସରବତ, ପଣା ବଣ୍ଟନ କରାଯାଇଥିବା ଦେଖିବାକୁ ମିଳିଥିଲା।

■ବଳ ଯୋଗାଡ଼ରେ ମାତିଛନ୍ତି ବିଜେଡି, ଭାଜପା

# ମିଶ୍ରଣ ପର୍ବକୁ ନେଇ ଚାଲିଛି ପ୍ରତିଯୋଗିତା

ଯାଜପୁର ଅଫିସ,୧୪।୪

ଲଘୁ ଖଣିଜ, ଖଣି ଖାଦାନ ଓ ଶିଳ୍ପ ସମୃଦ୍ଧରେ ଭରପୁର ଯାଜପୁର ଜିଲାର ସୁକିନ୍ଦା, କୋରେଇ, ଧର୍ମଶାଳା ଓ ବଡଚଣା ଧନଶାଳୀ ନିର୍ବାଚନ ମଣ୍ଡଳୀ ଭାବେ ପରିଚିତ। ଏହି ନିର୍ବାଚନ ମଣ୍ଡଳୀରେ ଏବେ ନିର୍ବାଚନୀ ହାୱା ଜୋରରେ ବହୁଛି। ନିଜ ଗଡ଼କୁ ସୁରକ୍ଷିତ ରଖିବାକୁ ପ୍ରାର୍ଥୀମାନେ ଆପ୍ରାଣ ଉଦ୍ୟମ କରୁଛନ୍ତି। ବିଶେଷ କରି ଜିଲାରେ ବିଜେଡି ଓ ଭାଜପା ମଧ୍ୟରେ କଡ଼ା ଟକ୍କର ହେଉଛି। କେବଳ ସୁକିନ୍ଦାରେ ତ୍ରିମୁଖୀ ଲଢେଇ ହେଉଥିଲେ ହେଁ ବିଜେଡି ପ୍ରଚାରରେ ବହୁ ଆଗରେ ରହିଥିବା ସୂଚନା ମିଳିଛି। ଅନ୍ୟ ବର୍ଷ ତୁଳନାରେ ଲଢେଇ ଜୋରସୋରରେ ହେବାର ସମ୍ଭାବନା ରହିଥିବାରୁ ବିଜେଡି ଓ ଭାଜପା ମଧ୍ୟରେ ମିଶ୍ରଣ ପର୍ବକୁ ନେଇ ଏକପ୍ରକାର ପ୍ରତିଯୋଗିତା ଚାଲିଥିବା ପରିଲକ୍ଷିତ ହୋଇଛି। ଏଥିରେ ଦଳ ପୂର୍ବତନ ସରପଞ୍ଚ, ସମିତିସଭ୍ୟ, ୱାର୍ଡମେମ୍ବର, ସାଧାରଣ ଜନତା ପ୍ରମୁଖଙ୍କୁ ସାମିଲ କରି ବଳ ଯୋଗାଡ଼ କରୁଥିବା ଭଳି ମନେ ହେଉଛି। ମିଶ୍ରଣ ପର୍ବରେ ଧର୍ମଶାଳା ବିଜେଡି ବହୁ ଆଗରେ ରହିଛି। ଗତ କିଛିଦିନ ହେଲା ବିଭିନ୍ନସ୍ତରରୁ ଲୋକ ବିଜେଡିରେ ସାମିଲ ହେଉଥିବା ଦେଖିବାକୁ ମିଳିଛି। ରବିବାର ଏହି ନିର୍ବାଚନ ମଣ୍ଡଳୀର ୧୫ନମ୍ବର ଜୋନ ଭାଜପା ସଭାପତି ପ୍ରାବନ୍ଧିକ ବାମଦେବ ପାଢ଼ୀ ଓ ବୃନ୍ଦାଦେଇପୁର ପଞ୍ଚାୟତର ଭାଜପା ନେତା ରାଧାକାନ୍ତ ଶତପଥୀ ପ୍ରମୁଖ ଏମ୍ପି ପ୍ରାର୍ଥୀ ଶର୍ମିଷ୍ଠା ସେଠୀଙ୍କ ଉପସ୍ଥିତିରେ ବିଜୁ ଜନତା ଦଳରେ ସାମିଲ ହୋଇଥିଲେ। ସେମାନଙ୍କୁ ବିଧାୟକ ପ୍ରଣବ କୁମାର ବଳବନ୍ତରାୟ ଦଳୀୟ ଉତ୍ତରୀୟ ଦେଇ ସ୍ୱାଗତ କରିଥିଲେ। ସେହିପରି ଓଡିଶୋ ପଞ୍ଚାୟତର ରସୁଲପୁର ବ୍ଲକ ବିଜୁ ଯୁବ ଜନତା ସଭାପତି ସୁବାସ ଖୁଣ୍ଟିଆଙ୍କ ନେତୃତ୍ୱରେ ବହୁ ଭାଜପା ନେତା ଓ କେତେଜଣ କୃଷକ ବିଜେଡିରେ ମିଶିଥିଲେ। ପୂର୍ବରୁ ମଧ ଧର୍ମଶାଳା ବିଜେଡିରେ ବହୁ ଭାଜପା ଓ କଂଗ୍ରେସ ନେତା ସାମିଲ ହୋଇଥିବା ସୂଚନା ମିଳିଛି । ସେହିପରି ବିଞ୍ଝାରପୁର ବିଜେଡିରେ ଶନିବାର ଅରେଇ କଲ୍ୟାଣ ମଣ୍ଡପରେ ଅନୁଷ୍ଠିତ ମିଶ୍ରଣ ପର୍ବରେ ଉତ୍ତଙ୍ଗରା ପଞ୍ଚାୟତର ଯୁବ ଭାଜପା ଓ କଂଗ୍ରେସ କର୍ମୀ ପ୍ରଶାନ୍ତ କୁମାର ମଲ୍ଲିକ, ଦୀପକ କୁମାର ମଲ୍ଲିକ, ସୁରେଶ ମଲ୍ଲିକ, ସଞ୍ଜୀବ କୁମାର ମଲ୍ଲିକ, ମନୋଜ ମଲିକ ପ୍ରମୁଖ ସାମିଲ ହୋଇଥିଲେ । ବିଜେଡି ପ୍ରାର୍ଥିନୀ ପ୍ରମିଳା ମଲିକ ନବାଗତ କର୍ମୀଙ୍କୁ ଦଳୀୟ ଉତ୍ତରୀୟ ଦେଇ ସ୍ୱାଗତ କରିଥିଲେ। କୋରେଇ ବିଜେଡି ମଧ ଏଥିରୁ ବାଦ ପଡି ନାହିଁ । ଶନିବାର ନବୀନ ନିବାସରେ ଶତାଧିକ ଭାଜପା ଓ କଂଗ୍ରେସ କର୍ମୀ ବିଜେଡିରେ ମିଶିଥିଲେ। ଏଥିରେ କୋରେଇ ପଞ୍ଚାୟତ ସମିତି ଉପାଧ୍ୟକ୍ଷ ଅନୀଲ ମହାପାତ୍ର, ସାଦକପୁର ସରପଞ୍ଚ ରଶ୍ମିରେଖା ଗାହାଣଙ୍କ ସମେତ ସମିତିସଭ୍ୟା ନିର୍ମଳା ବେହେରା ପ୍ରମୁଖ ସାମିଲ ହୋଇଥିଲେ। ଏହି ମିଶ୍ରଣ ପ୍ରକ୍ରିୟାରେ ଭାଜପା ମଧ ବାଦ ପଡିନାହିଁ । ବଡଚଣା ବ୍ଲକ ବୈରୀ ପଞ୍ଚାୟତ ଚୌଧୁରୀ ମଠ ଜଗନ୍ନାଥ ମନ୍ଦିର ପ୍ରାଙ୍ଗଣରେ ବହୁ ବିଜେଡି ଓ କଂଗ୍ରେସ କର୍ମୀ ଭାଜପାରେ ସାମିଲ ହୋଇଥିବା କୁହାଯାଉଛି । କୋରେଇ ବିଜେଡିକୁ ତାଳ ଦେଇ ଭାଜପା ମଧ ଏଥିରେ ପଛରେ ନାହିଁ । ଶନିବାର ତାହାରପୁର ପଞ୍ଚାୟତର ବହୁ କର୍ମୀ ଭାଜପାରେ ସାମିଲ ହୋଇଥିଲେ । ନୂତନ ଭାବେ ଯୋଗ ଦେଇଥିବା କର୍ମୀଙ୍କୁ ବିଧାୟକ ପ୍ରାର୍ଥୀ ବିଶ୍ୱଜିତ ନାୟକ ଭାଜପା ଟୋପି ପିନ୍ଧାଇ ଦଳକୁ ସ୍ୱାଗତ କରିଥିଲେ। ବରୀ ଭାଜପାରେ ଶନିବାର ଗୋଲକୁଣ୍ଡ ପଞ୍ଚାୟତରେ ଯୁବକର୍ମୀ ଭାଜପାରେ ସାମିଲ ହୋଇଥିଲେ। ଭାଜପା ପ୍ରାର୍ଥୀ ବିଶ୍ୱରଞ୍ଜନ ମଲ୍ଲିକ ଭାଜପା ଟୋପି ଓ ଉତ୍ତରୀୟ ପିନ୍ଧାଇ କର୍ମୀଙ୍କୁ ସ୍ୱାଗତ କରିଥିଲେ। ଗତ କିଛିଦିନ ହେଲା ବିଜେଡି ଓ ଭାଜପାରେ ଏଭଳି ମିଶ୍ରଣ ପର୍ବ ହେଉଥିବା ଦେଖିବାକୁ ମିଳିଛି। ତେବେ ବିଜେଡି କିମ୍ବା ଭାଜପାରୁ ଡେଇଁ ନୂତନ ଦଳରେ ସାମିଲ ହୋଇଥିବା ନେତା, କର୍ମୀଙ୍କ ବ୍ୟକ୍ତିତ୍ୱ ଓ ଚରିତ୍ର ଉପରେ ଭୋଟରଙ୍କ ନଜର ରହିଛି। ଭୋଟରଙ୍କ ଉପରେ କାହାର କେତେ ପ୍ରଭାବ ପଡିବ ସେ ନେଇ ଚର୍ଚ୍ଚା ହେଉଥିବାବେଳେ ବିଜେଡି ଓ ଭାଜପା କେତେ ଶକ୍ତିଶାଳୀ ହେଉଛନ୍ତି ତାହା ନିର୍ବାଚନ ଫଳାଫଳରୁ ଜଣାପଡିବ ବୋଲି କୁହାଯାଉଛି।

**ଚର୍ଚ୍ଚାରେ ୪ ନିର୍ବାଚନମଣ୍ଡଳୀ**



ବିଜେଡିର ମିଶ୍ରଣ ପର୍ବରେ ଦଳରେ ନୂଆ କରି ଯୋଗଦେଇଥିବା ବିଭିନ୍ନ ନେତା ଓ କୃଷକ।

■ଆଗରେ ରହିଛି ଧର୍ମଶାଳା ବିଜେଡି

■ନିଜ ଗଡ଼ ସୁରକ୍ଷିତ ରଖିବାକୁ ପ୍ରାର୍ଥୀଙ୍କ ଉଦ୍ୟମ



ଅନ୍ୟଠାରୁ ନିଜକୁ ଉଚ୍ଚ ବୋଲି ମଣିବା ହେଉଛି ଭଗବାନଙ୍କ ପ୍ରତି ଦ୍ରୋହ ଆଚରଣ।
- ମହାତ୍ମା ଗାନ୍ଧୀ








## ସଂକ୍ଷେପରେ

### ମହାବିଷୁବ ସଂକ୍ରାନ୍ତି ଓ ହନୁମାନ ଜୟନ୍ତୀ



**ଗଣିଆ,୧୪।୪(ଡି.ଏନ.ଏ.):** ଗଣିଆ ବ୍ଲକର ପୁରପଲ୍ଲୀରେ ରବିବାର ମହାବିଷୁବ ସଂକ୍ରାନ୍ତି ଓ ହନୁମାନଙ୍କ ଜୟନ୍ତୀ ପାଳିତ ହୋଇଯାଇଛି। ଏହାସହ ଓଡ଼ିଆ ନବବର୍ଷକୁ ପାଳନ କରିବା ପାଇଁ ଘରେ ଘରେ ସ୍ୱାଦିଷ୍ଟ ପଣା ପ୍ରସ୍ତୁତ କରାଯାଇଥିଲା। ଗଣିଆ, ବେଲପଡା, ଛାମୁଣ୍ଡିଆ, ମହୁକଣ, ହରିପୁର ଓ ଗୁପ୍ତେଶ୍ୱର ମହାଦେବ ମନ୍ଦିର ପରିସର ହନୁମାନ ମନ୍ଦିରଗୁଡିକରେ ମହାବୀରଙ୍କ ପୂଜାର୍ଚ୍ଚନା ସହ ଅଖଣ୍ଡ ହନୁମାନ ଚାଲିଶା ପାଠ କରାଯାଇଥିଲା। ମହାବୀରଙ୍କ ଦର୍ଶନ ନିମିତ୍ତ ପୀଠଗୁଡିକରେ ସକାଳୁ ଶ୍ରଦ୍ଧାଳୁଙ୍କ ସମାଗମ ହୋଇଥିଲା। ସେହିପରି ପବନ ଓ ଅଗ୍ନି ଦେବତାଙ୍କ କୋପରୁ ରକ୍ଷା ପାଇବା ବିଶ୍ୱାସ ରଖି ବିଭିନ୍ନ ଦେବଦେବୀ ପୀଠରେ ପଣାଲାଗି କରାଯାଇଥିଲା। ପ୍ରତ୍ୟେକ ଗ୍ରାମରେ ଗ୍ରାମବାସୀଙ୍କ ପକ୍ଷରୁ ଗ୍ରାମଦେବତୀ ଓ ହିଙ୍ଗୁଳାଙ୍କୁ ସନ୍ତୁଷ୍ଟ କରିବା ଲାଗି ଗାଁ ମୁଣ୍ଡରେ ପଣାହାଣ୍ଡି ଦିଆଯାଇଥିଲା।

### ନିଆଁରେ ପୋଡ଼ିହୋଇ ଚିକିତ୍ସାଧୀନ ମହିଳାଙ୍କ ମୃତ୍ୟୁ

**ଭାପୁର,୧୪।୪(ଡି.ଏନ.ଏ.):** ଫତେଗଡ ଥାନା ଅଞ୍ଚଳରେ ନିଆଁରେ ପୋଡିହୋଇ ଚିକିତ୍ସିତ ହେଉଥିବା ଜଣେ ମହିଳାଙ୍କ ରବିବାର ମୃତ୍ୟୁ ଘଟିଛି। ଭାପୁର ବ୍ଲକ ଗୋଳାପୋଖରୀ ପଞ୍ଚାୟତ ତରବାଲୋ ଗ୍ରାମର ରବି ସାହୁ ଅଢ଼େଇବର୍ଷ ତଳେ ଚକ୍ରଧରପ୍ରସାଦ ପଞ୍ଚାୟତ ଗୋବର୍ଦ୍ଧନପ୍ରସାଦ ଗ୍ରାମର ଅର୍ଜୁନ ସାହୁଙ୍କ କନ୍ୟା ସୁକାନ୍ତି ସାହୁଙ୍କୁ (୨୩) ବିବାହ କରିଥିଲେ। ବିବାହର କିଛିଦିନ ଭଲରେ ଚଳିଥିବାବେଳେ ଉଭୟଙ୍କର ଏକବର୍ଷର ପୁତ୍ର ସନ୍ତାନ ରହିଛି। ପରେ ଅଧିକ ଯୌତୁକ ପାଇଁ ଶାଶୁଘର ଲୋକେ ସୁକାନ୍ତିଙ୍କୁ ଶାରୀରିକ ଓ ମାନସିକ ନିର୍ଯାତନା ଦେଇଆସୁଥିଲେ। ଏପରିସ୍ଥଳେ ଶନିବାର ଶାଶୁଘର ଲୋକମାନେ ସୁକାନ୍ତିଙ୍କ ଦେହରେ କିରୋସିନ ଢ଼ାଳି ନିଆଁ ଲଗାଇ ଦେଇଥିବା ନେଇ ତାଙ୍କ ବାପା ଅର୍ଜୁନ ଫତେଗଡ଼ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ନିଆଁରେ ପୋଡ଼ି ହୋଇ ସୁକାନ୍ତି ଗୁରୁତର ହୋଇଥିବାରୁ ବାପଘର ଲୋକେ ତାଙ୍କୁ ପ୍ରଥମେ ଭାପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରିଥିଲେ। ପରବର୍ତ୍ତୀ ସମୟରେ ତାଙ୍କୁ କଟକ ସ୍ଥାନାନ୍ତର କରାଯାଇଥିଲା।

### ଥାନା ନିକଟରୁ ବାଇକ୍ ଚୋରି

**ଦଶପଲ୍ଲା,୧୪।୪(ଡି.ଏନ.ଏ.):** ସ୍ଥାନୀୟ ଗାନ୍ଧୀ ପଡିଆରେ ଶନିବାର ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ନିର୍ବାଚନୀ ସଭା ଚାଲିଥିବା ବେଳେ ଏହି ସମୟରେ ଦଶପଲ୍ଲା ଥାନାଠାରୁ ମାତ୍ର ୫୦ ମିଟର ଦୂରରୁ ଏକ ବାଇକ୍ ଚୋରି ହୋଇଥିବା ଅଭିଯୋଗ ହୋଇଛି। ସ୍ଥାନୀୟ ଖଣ୍ଡପଡା ଗ୍ରାମର ଅଜିତ୍ କୁମାର ମହାରଣା ଓଡି୨୫ସି-୬୦୯୮ ନଂ. ବିଶିଷ୍ଟ ବାଇକ୍ ଥାନା ନିକଟରେ ରଖି ସଭାସ୍ଥଳକୁ ଯାଇଥିଲେ। ମାତ୍ର ମୁଖ୍ୟମନ୍ତ୍ରୀଙ୍କ ସଭା ଶେଷହେବା ପରେ ସେ ଆସିବା ବେଳକୁ ବାଇକ୍ ନ ଥିବା ଦେଖିଥିଲେ। ବହୁ ଖୋଜାଖୋଜି ପରେ ମଧ୍ୟ କୌଣସି ସନ୍ଧାନ ମିଳି ନ ଥିଲା। ସେ ଏ ସମ୍ପର୍କରେ ଦଶପଲ୍ଲା ଥାନାରେ ଅଭିଯୋଗ କରିବା ପରେ ପୋଲିସ ଘଟଣାର ତଦନ୍ତ କରୁଛି।

■ ନୟାଗଡ଼ ନିର୍ବାଚନମଣ୍ଡଳୀ

# ଜୋର୍ ଧରିଲାଣି ପ୍ରଚାର

**ନୟାଗଡ଼ ଅଫିସ,୧୪।୪**

ଆସନ୍ତା ୨୩ ତାରିଖ ତୃତୀୟ ପର୍ଯ୍ୟାୟରେ ନୟାଗଡ଼ ନିର୍ବାଚନମଣ୍ଡଳୀରେ ନିର୍ବାଚନ ଅନୁଷ୍ଠିତ ହେବ। ଏଥିପାଇଁ ବିଭିନ୍ନ ଦଳୀୟ ପ୍ରାର୍ଥୀଙ୍କ ପକ୍ଷରୁ ପ୍ରଚାର ଜୋର୍ ଧରିଲାଣି। ମଇଦାନରେ ୮ ପ୍ରାର୍ଥୀ ଥିଲେ ମଧ୍ୟ ତିନି ପ୍ରମୁଖ ଦଳର ପ୍ରାର୍ଥୀମାନଙ୍କ ମଧ୍ୟରେ ଲଢ଼େଇ ହେବା ଆଲୋଚନା ହେଉଛି। ଏହିସବୁ ପ୍ରାର୍ଥୀମାନେ ଚିରାଚରିତ ଢଙ୍ଗରୁ ଟିକେ ଅଲଗା ଭାବେ ପ୍ରଚାର କରୁଥିବା ଦେଖିବାକୁ ମିଳିଛି। କିଏ ବୁଲେଟ୍‌ରେ ତ ଆଉ କିଏ ଖୋଲା ଜିପ୍‌ରେ, ପୁଣି କିଏ ଘରକୁ ଘର ବୁଲି ପ୍ରଚାର କରୁଛନ୍ତି। ଚତୁର୍ଥ ଥର ବିଜୟୀ ହେବା ଆଶାରଖି ତଥା ନିଜ ଗଡ଼ ରକ୍ଷା କରିବା ପାଇଁ ବିଜେଡିରୁ ପ୍ରାର୍ଥୀ ହୋଇଥିବା ଅରୁଣ କୁମାର ସାହୁ ପ୍ରଚାରକୁ ଓହ୍ଲାଇଛନ୍ତି। ଗ୍ରାମର ଗଳିକନ୍ଦିରେ ନିଜର ପୋଷ୍ଟର ଛାଇ ଦେଇଛନ୍ତି। ଅରୁଣ ନିଜ ପୋଷ୍ଟରରେ ନୟାଗଡ଼ର ପୂର୍ବତନ ବିଧାୟକ ତଥା ମନ୍ତ୍ରୀ ସ୍ୱର୍ଗତ ଭାଗବତ ବେହେରାଙ୍କ ଫଟୋ ରଖିଥିବା ଦେଖିବାକୁ ମିଳୁଛି। ବରିଷ୍ଠ ନାଗରିକମାନଙ୍କ ଭୋଟ ହାତେଇବା ପାଇଁ ଏଭଳି କରିଥିବା ଆଲୋଚନା ହେଉଛି। ସକାଳେ ଓ ସନ୍ଧ୍ୟାରେ ବିଭିନ୍ନ ଗ୍ରାମ ବୁଲି ଲୋକଙ୍କ ସହିତ ମିଶି ଆଲୋଚନା କରିବା ସହିତ ଭୋଟ ଭିକ୍ଷା କରୁଛନ୍ତି। ଭୋଟରମାନଙ୍କୁ ଆକୃଷ୍ଟ କରିବା ପାଇଁ ବୁଲେଟ୍‌ରେ ବିଭିନ୍ନ ସ୍ଥାନ ବୁଲୁଛନ୍ତି। ଅନ୍ୟପକ୍ଷେ ଅରୁଣଙ୍କୁ ପରାଜୟର ସ୍ୱାଦ ଚଖାଇବା ପାଇଁ ଭାଜପା ପ୍ରାର୍ଥୀ ଇରାନୀ ରାୟ ଓ କନ୍ଧମାଳ ଏମ୍‌ପି ପ୍ରତ୍ୟୁଷା ରାଜେଶ୍ୱରୀ ସିଂ ଏକାଠି ହୋଇଛନ୍ତି। ଉଭୟ ପ୍ରତିଦିନ ବିଭିନ୍ନ ଗ୍ରାମ ବୁଲି ନିଜ ଦଳ ସପକ୍ଷରେ ପ୍ରଚାର କରୁଛନ୍ତି। ବିଜୟୀ ହେଲେ କିପରି ନିର୍ବାଚନମଣ୍ଡଳୀରେ ଉନ୍ନତି ହେବ ସେ ନେଇ ଭୋଟରଙ୍କୁ ବୁଝାଉଛନ୍ତି। ଉଭୟ ଏକ ଖୋଲା ଜିପ୍‌ରେ ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ବିଭିନ୍ନ ଗ୍ରାମ ବୁଲି ଭାଜପାକୁ ଭୋଟ ଦେବାକୁ ନିବେଦନ କରୁଛନ୍ତି। ସେହିପରି କଂଗ୍ରେସରୁ ପ୍ରାର୍ଥୀ ହୋଇଥିବା ପୂର୍ବତନ ବିଧାୟକ ବଂଶୀଧର ସାହୁଙ୍କ ପୁଅ ମନୋଜ ସାହୁ କର୍ମୀମାନଙ୍କ ସହିତ ବିଭିନ୍ନ ଗ୍ରାମକୁ ଯାଇ ଘର ଘର ବୁଲି ପ୍ରଚାର କରୁଛନ୍ତି। ମନୋଜ ନୟାଗଡ଼ ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ଇଟାମାଟିର ପୁଅ ହୋଇଥିବାରୁ ବିଦେଶୀ ହଟାଅ ସ୍ଲୋଗାନ୍ ଦେଇ ନିଜ ପାଇଁ ଭୋଟ ଭିକ୍ଷା କରୁଛନ୍ତି। ଦିନେ ଅଧେ କାହାର ପାଦ ପଡ୍ରୁ ନ ଥିବା ଗ୍ରାମରେ ମାଳ ମାଳ ପ୍ରାର୍ଥୀ ଦେଖି ଭୋଟର କାହାକୁ ଭୋଟ ଦେବେ ତାକୁ ନେଇ ଦ୍ୱନ୍ଦ୍ୱରେ ରହୁଛନ୍ତି। ତେବେ ମେ ୨୩ ତାରିଖରେ ଜଣାପଡ଼ିବ ଭୋଟର କାହା ପ୍ରତି ଆକୃଷ୍ଟ ହୋଇ ନିଜର ବହୁମୂଲ୍ୟ ମତଦାନ ସାବ୍ୟସ୍ତ କରିଛନ୍ତି।



ବୁଲେଟ୍‌ରେ ବୁଲୁଛନ୍ତି ଅରୁଣ।



ଜିପ୍‌ରେ ପ୍ରଚାର କରୁଛନ୍ତି ଇରାନୀ, ପ୍ରତ୍ୟୁଷା।

- ■ ବୁଲେଟ୍‌ରେ ପ୍ରଚାର କରୁଛନ୍ତି ଅରୁଣ
- ■ ଜିପ୍‌କୁ ମାଧ୍ୟମ କରିଛନ୍ତି ଇରାନୀ, ପ୍ରତ୍ୟୁଷା
- ■ ଘରକୁ ଘର ବୁଲୁଛନ୍ତି ମନୋଜ



ଗ୍ରାମରେ ବୁଲି ବୁଲି ପ୍ରଚାର କରୁଛନ୍ତି ମନୋଜ।

■ ଓଡ଼ଗାଁରେ ଶ୍ରୀରାମନବମୀ ଯାତ୍ରାର ଦ୍ୱିତୀୟ ସନ୍ଧ୍ୟା

# ପ୍ରଭୁଙ୍କ ତାଡ଼କା ବଧ ବେଶ

**ଓଡ଼ଗାଁ,୧୪।୪(ସ୍ୱ.ପ୍ର.)**

ପବିତ୍ର ଶ୍ରୀରାମ ନବମୀରେ ରାମ ଲାଲାଙ୍କ ଆବିର୍ଭାବରେ ଓଡିଶାର ଦ୍ୱିତୀୟ ଶ୍ରୀକ୍ଷେତ୍ର ପ୍ରଭୁ ଶ୍ରୀରଘୁନାଥଜୀଉଙ୍କ ବିଜେସ୍ଥଳୀ ଓଡ଼ଗାଁ ଉତ୍ସବମୁଖର ହୋଇ ଉଠିଛି। ରବିବାର ବାସନ୍ତିକ ଦଶମୀ ସହିତ ମହା ବିଷୁବ ସଂକ୍ରାନ୍ତି ତଥା ହନୁମାନ ଜୟନ୍ତୀ ହୋଇଥିବାରୁ ମନ୍ଦିର ପରିସର ଲୋକାରଣ୍ୟ ରହିଥିଲା। ଝାମୁ ଯାତ୍ରା ନିମନ୍ତେ ଦଣ୍ଡ ଠାକୁରଙ୍କ ମନ୍ଦିର ପରିକ୍ରମା ପରିବେଶକୁ ଭକ୍ତିମୟ କରିଥିଲା। ଝୁଲଣ ମଣ୍ଡପ ସାମନାରେ ଚଳିତବର୍ଷ ଓଡ଼ଗାଁ ଦଣ୍ଡ ଠାକୁରଙ୍କ ଝାମୁଯାତ୍ରା ଥିବାରୁ ବହୁ ମାନସିକଧାରୀ ନିଆଁରେ ଚାଲିବା ସହିତ ସେମାନଙ୍କ ମାନସିକ ପୂରଣ ହେଉଥିବା ପ୍ରକାଶ କରିଥିଲେ। ରବିବାର ସନ୍ଧ୍ୟାରେ ରାମନବମୀ ଯାତ୍ରାର ଦ୍ୱିତୀୟ ଦିନରେ ପ୍ରଭୁଙ୍କ ତାଡକା ବଧ ବେଶ ଅନୁଷ୍ଠିତ ହୋଇଥିଲା। ପ୍ରଭୁ ଶ୍ରୀରାମ ଓ ଅନୁଜ ଲକ୍ଷ୍ମଣ ମୁନି ଋଷିମାନଙ୍କ ଯଜ୍ଞାଦି କର୍ମକୁ ସୁରକ୍ଷା ଦେବା ଲାଗି ଆଗେଇ ଆସିଛନ୍ତି। ଅସୂୟାଙ୍କ ଅତ୍ୟାଚାରରେ ଅତିଷ୍ଠ ହୋଇ ଋଷି ବିଶ୍ୱାମିତ୍ରଙ୍କ ଅନୁରୋଧକ୍ରମେ ରାଜା ଦଶରଥ ବେନି ଧନୁର୍ଦ୍ଧର ପୁତ୍ରଙ୍କୁ ଋଷିଙ୍କ ସହିତ ବନକୁ ପଠାଇଛନ୍ତି। ପ୍ରଭୁ ଶ୍ରୀରାମ ମାୟାବିନୀ ତାଡକାକୁ ତୀର ନିକ୍ଷେପ କରୁଥିବା ବେଳେ ଭକ୍ତଙ୍କୁ ଦୃଶ୍ୟମାନ ହୋଇଛନ୍ତି। ମାୟାବିନୀ ଶୂନ୍ୟରେ ରହି ପ୍ରଭୁଙ୍କୁ ଭ୍ରମରେ ପକାଉଥିବା ଭଳି ଜଣାଯାଉଥିଲା। ପ୍ରଭୁ ଅସୂୟା ଶକ୍ତିଙ୍କୁ ସଂସାରରୁ ବିନାଶ କରିବା ସହିତ ସତ୍ୟର ସ୍ଥାପନା ନିମନ୍ତେ ମାନବ ସମାଜକୁ ପ୍ରେରଣା ଦେଇଛନ୍ତି। ପ୍ରତିଦିନ ରାଜ୍ୟ ତଥା ରାଜ୍ୟ ବାହାରୁ ଆସୁଥିବା ଶ୍ରଦ୍ଧାଳୁମାନେ ଶ୍ରୀଜୀଉଙ୍କ ଦର୍ଶନ ଲାଭ କରୁଛନ୍ତି। ପାଳିଆ ପଣ୍ଡା ପ୍ରଦୀପ ବାହିନୀପତିଙ୍କ ସହିତ ଦାଶ ବଂଶର ସଦସ୍ୟମାନେ ଶ୍ରୀଜୀଉଙ୍କୁ ବେଶ କରିଥିଲେ। ସୋମବାର ଅହଲ୍ୟା ଉଦ୍ଧାରଣ ବେଶ ଅନୁଷ୍ଠିତ ହେବ ବୋଲି ମନ୍ଦିର ପ୍ରଶାସନ ତରଫରୁ ସୂଚନା ମିଳିଛି।



ତାଡ଼କା ବଧ ବେଶରେ ଶ୍ରୀଜୀଉ।

# ଭୟାବହ ଅଗ୍ନିକାଣ୍ଡ: ଜଳିଗଲା ୨୨ ବଖରା

**ଦଶପଲ୍ଲା,୧୪।୪ (ଡି.ଏନ.ଏ.)**

ଦଶପଲ୍ଲା ବ୍ଲକ ଭୋଗବାଡି ନିକଟ ଢିପିସାହି ଗ୍ରାମରେ ରବିବାର ଭୟାବହ ଅଗ୍ନିକାଣ୍ଡ ଘଟିଛି। ଏଥିରେ ୧୨ ପରିବାରର ୨୨ ବଖରା ସହ ୯ଟି ଗୁହାଳ ଘର ପୋଡି ପାଉଁଶ ହୋଇଯାଇଛି। ମଧ୍ୟାହ୍ନ ସମୟରେ ଗାଁର ଜଣକ ଘରେ ବିଦ୍ୟୁତ୍ ଶର୍ଟ ସର୍କିଟରୁ ଅଗ୍ନିକାଣ୍ଡ ଘଟିଥିଲା। ପରେ ଏହା ଅନ୍ୟମାନଙ୍କ ଘରକୁ ବ୍ୟାପିଯାଇଥିଲା। ଅଗ୍ନିକାଣ୍ଡରେ ଗ୍ରାମର ସୋମନାଥ ପ୍ରଧାନଙ୍କ ୨ ବଖରା, ପ୍ରଦୀପ ପ୍ରଧାନଙ୍କ ୨ ବଖରା, ଶରତ ଜେନାଙ୍କ ୨ ବଖରା, ତ୍ରିଲୋଚନ ଜେନାଙ୍କ ୨ ବଖରା, ସୁମନ୍ତ ବାରିକଙ୍କ ୨ବଖରା, ଭାଗୀରଥି ନାୟକଙ୍କ ୨ ବଖରା, ଦାଶରଥି ନାୟକଙ୍କ ୨ ବଖରା, ଅଭିମନ୍ୟୁ ଜେନାଙ୍କ ୨ ବଖରା, ଉଚ୍ଛବ ପ୍ରଧାନଙ୍କ ୨ ବଖରା, ସନ୍ତୋଷ ପ୍ରଧାନଙ୍କ ୧ ବଖରା, ଅର୍ଜୁନ ଜେନାଙ୍କ ୨ ବଖରା, କନକ ପ୍ରଧାନଙ୍କ ୧ ବଖରା ସହ ୯ଟି ଗୁହାଳ ଘର ଓ ୨ଟି ପାଳଗଦା ପୋଡି ଧ୍ୱଂସ ହୋଇଯାଇଛି। ଏହି ସମସ୍ତ ପରିବାରଙ୍କ ଘରେ ଥିବା ଆସବାବପତ୍ର ସହ ଧାନ ଚାଉଳ, ଲୁଗାପଟା ମଧ୍ୟ ପୋଡି ନଷ୍ଟ ହୋଇଯାଇଛି। ଗୃହପାଳିତ ପ୍ରାଣୀ ବାହାରକୁ ଚରିବାକୁ ଯାଇଥିବାରୁ ବର୍ତ୍ତି ଯାଇଛନ୍ତି। ଅଗ୍ନିବିପନ୍ନ ପରିବାର ଏବେ ପିଲାଛୁଆଙ୍କୁ ଧରି ଖୋଲା ଆକାଶ ତଳେ ପଡିରହିଛନ୍ତି। ଖବର ପାଇ ଦଶପଲ୍ଲା ଦମକଳ ବାହିନୀ ଘଟଣାସ୍ଥଳରେ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲା। ସ୍ଥାନୀୟ ରାଜସ୍ୱ ନିରୀକ୍ଷକ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଛନ୍ତି। ଏହି ପରିବାରଗୁଡିକୁ ତୁରନ୍ତ ପ୍ରଶାସନ ପକ୍ଷରୁ ସହାୟତା ଯୋଗାଇଦେବାକୁ ଗ୍ରାମବାସୀ ଦାବି କରିଛନ୍ତି।



ପୋଡ଼ିଯାଇଥିବା ଘର।

# ଦରଦାରେ ବାସନ୍ତିକ ଦୁର୍ଗାପୂଜା ଓ ରାମନବମୀ

**ଖଣ୍ଡପଡା,୧୪।୪(ସ୍ୱ.ପ୍ର.)**

ଖଣ୍ଡପଡା ବ୍ଲକ ଜଗନ୍ନାଥପ୍ରସାଦ ପଞ୍ଚାୟତ ଦରଦା ଗ୍ରାମର ମହିଷାଶୁଣୀ ପୀଠରେ ଶୁକ୍ରବାର ଚୈତ୍ର ୭ମୀଠାରୁ ରବିବାର ନବମୀ ପର୍ଯ୍ୟନ୍ତ ୩ଦିନ ବ୍ୟାପୀ ବାସନ୍ତୀକ ଦୁର୍ଗାପୂଜା ପାଳିତ ହୋଇଯାଇଛି । ଏହି ଅବସରରେ ମହୁଲପଡା, ଦରଦା ଗ୍ରାମବାସୀଙ୍କ ପକ୍ଷରୁ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ପ୍ରଥମ ଦିନ ନବରଙ୍ଗୀ, ରାତିରେ ଗ୍ରାମର ଯୁବଗୋଷ୍ଠୀଙ୍କ ଦ୍ୱାରା ନାଟକ 'ପାହିଗଲା ରାତି ରହିଗଲା ସାଥୀ' ମଞ୍ଚସ୍ଥ ହୋଇଥିଲା। ୨ୟ ଦିବସରେ ବାଦୀ ଦୁଆରି ନାଟ ଓ ରାତିରେ ମହାଭାରତ ପରିବେଷିତ ହୋଇଥିଲା । ରବିବାର ଉଦ୍‌ଯାପନୀ ଦିବସରେ ଠାକୁରାଣୀଙ୍କୁ ଗ୍ରାମ ପରିକ୍ରମା କରାଯାଇ ପ୍ରତ୍ୟେକଙ୍କ ଦୁଆରେ ଭୋଗଲାଗି ହୋଇଥିଲା। ନିକଟସ୍ଥ ବାତରା ମଠରେ ରବିବାର ଶ୍ରୀରାମ ନବମୀ ଅବସରରେ ଶ୍ରୀରାମଙ୍କ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ମଠରେ ଅଧିଷ୍ଠିତ ଶ୍ରୀରାମ, ଲକ୍ଷ୍ମଣ ଓ ମାତା ସୀତା ଦେବୀଙ୍କ ପୂଜାର୍ଚ୍ଚନା ନିମନ୍ତେ ହଜାର ହଜାର ଶ୍ରଦ୍ଧାଳୁ ସମାଗମ ହୋଇଥିଲେ। ଖଣ୍ଡପଡା, ଗୁଣ୍ଠୁଣୀ, ମର୍ଦ୍ଦରାଜପୁର, କଣ୍ଟିଲୋ ଶ୍ରୀ ନୀଳମାଧବ ପୀଠ ଓ ରଘୁନାଥ ଜୀଉଙ୍କ ମନ୍ଦିର, ସିଧାମୂଳାସ୍ଥ ଗୋକୁଳାନନ୍ଦ ଜୀଉ ମନ୍ଦିର, ପଦ୍ମାବତୀ ପଞ୍ଚାୟତ ହନୁମନ୍ତପ୍ରସାଦ ଗ୍ରାମର ଶ୍ରୀରାମ ପୀଠ ତଥା ଝରଣା ଆଶ୍ରମଠାରେ ରାମ ନବମୀ ପାଳିତ ହୋଇଯାଇଛି। ହନୁମନ୍ତପ୍ରସାଦ ଶ୍ରୀରାମ ପୀଠରେ ଏହି ଉପଲକ୍ଷେ ତିନିଦିନିଆ ଉତ୍ସବ ଅନୁଷ୍ଠିତ ହେଉଛି।

# ବି.ଆର୍. ଆମ୍ବେଡକର ଜୟନ୍ତୀ



ଜିଲାପାଳ ନିଜର ବକ୍ତବ୍ୟ ରଖୁଛନ୍ତି।

**ନୟାଗଡ଼ ଅଫିସ,୧୪।୪**

ସମ୍ବିଧାନ ପ୍ରଣେତା ଡ. ଭୀମରାଓ ରାମଜୀ ଆମ୍ବେଡକରଙ୍କ ୧୨୮ତମ ଜୟନ୍ତୀ ରବିବାର ଜିଲା ପ୍ରଶାସନ ପକ୍ଷରୁ ପାଳିତ ହୋଇଯାଇଛି। ଜିଲାପାଳଙ୍କ ମିନି ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ଉତ୍ସବରେ ଜିଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଡ. ପ୍ରମୋଦ କୁମାର ନାୟକ ସଭାପତିତ୍ୱ କରିଥିଲେ। ଜିଲାପାଳ ଡା. ଏନ୍ ତିରୁମାଲା ନାୟକ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଆଧୁନିକ ଭାରତର ନିର୍ମାତା ଓ ଅସ୍ପୃଶ୍ୟତା ପରି ଘୃଣ୍ୟ ପ୍ରଥା ବିରୋଧରେ ଭୀମରାଓ ଆମ୍ବେଡକରଙ୍କ ସଂଗ୍ରାମ ବିଷୟରେ ବର୍ଣ୍ଣନା କରିଥିଲେ। ତାଙ୍କ ଯୋଗୁ ଦୁର୍ବଳ ଶ୍ରେଣୀର ଲୋକମାନେ କିପରି ଉପକୃତ ହୋଇପାରୁଛନ୍ତି ଜିଲାପାଳ ନାୟକ ସେ ବିଷୟରେ କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ସ୍ୱାଧୀନତା ସଂଗ୍ରାମୀ ସାମ୍ମୁଖ୍ୟର ଜିଲା ସମ୍ପାଦକ ବିରଞ୍ଚି ନାରାୟଣ ଦାଶ, ଅଧ୍ୟାପକ ମହମ୍ମଦ ଓମାର ମଲ୍ଲିକ, କୁଳମଣି ନାୟକ ପ୍ରମୁଖ ଯୋଗଦେଇ ଆମ୍ବେଡକରଙ୍କ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ।

# ଯଦୁମଣିଙ୍କ ନାମରେ ନିର୍ମାଣ ହେବ ସାହିତ୍ୟ ଭବନ

**ନୟାଗଡ଼ ଅଫିସ,୧୪।୪**

ନୟାଗଡ଼ ଜିଲା ସାହିତ୍ୟ ସଂସ୍କୃତି ବିକାଶ ମଞ୍ଚ ଆନୁକୂଲ୍ୟରେ ରବିବାର ସ୍ଥାନୀୟ ରୋଟାରୀ ଭବନଠାରେ ଜିଲାସ୍ତରୀୟ ବିଷୁବ ମିଳନ-୨୦୧୯ ଅନୁଷ୍ଠିତ ହୋଇଯାଇଛି। ସାମାଜିକ କର୍ମୀ ପ୍ରମୋଦ ପଟ୍ଟନାୟକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ପ୍ରାବନ୍ଧିକ କାଳୀପଦ ପଣ୍ଡା, ପ୍ରାଧ୍ୟାପକ ରାମଚନ୍ଦ୍ର ମିଶ୍ର, ସାହିତ୍ୟିକ ଡ. ବିଜୟ ଚୌଧୁରୀ, ଖବରଦାତା ପ୍ରଦୀପ୍ତ କୁମାର ପଟ୍ଟନାୟକ ପ୍ରମୁଖ ଅତିଥି ଭାବେ ଯୋଗଦେଇଥିଲେ। ଅତିଥିମାନେ ବିଷୁବ ମିଳନର ତାତ୍ପର୍ଯ୍ୟ ବିଷୟରେ ବର୍ଣ୍ଣନା କରିଥିଲେ। ନୟାଗଡ଼ ଜିଲାର ବ୍ୟଙ୍ଗ କବି ଉତ୍କଳ ଘଣ୍ଟ କବି ଯଦୁମଣିଙ୍କ ନାମରେ ଜିଲା ସଦର ମହକୁମାରେ ଅତ୍ୟାଧୁନିକ ଶୈଳୀରେ ଏକ ସାହିତ୍ୟ ଭବନ ନିର୍ମାଣ କରାଯିବ ବୋଲି ନିଷ୍ପତ୍ତି ହୋଇଥିଲା। ଆଗାମୀ ବର୍ଷଠାରୁ ଜିଲାସ୍ତରୀୟ ବିଷୁବ ମିଳନ ଅବସରରେ ଜିଲାର ଜଣେ ମନୋନୀତ ସାରସ୍ୱତ ସାଧକଙ୍କୁ ବିଷୁବ ସମ୍ମାନ ପ୍ରଦାନ କରାଯିବା ସହିତ ନଗଦ ୧୦ ହଜାର ଟଙ୍କା ପ୍ରଦାନ କରାଯିବ ବୋଲି କମିଟି ପକ୍ଷରୁ ଘୋଷଣା କରାଯାଇଥିଲା। ମୁଖ୍ୟ ଅତିଥି କାଳିପଦ ପଣ୍ଡାଙ୍କୁ ଅନୁଷ୍ଠାନ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଥିଲା। କଣ୍ଠଶିଳ୍ପୀ ପ୍ରଶାନ୍ତ କୁମାର ଦାଶ ପ୍ରାରମ୍ଭରେ ଭଜନ ପରିବେଷଣ କରିଥିଲେ। ଏହି ଅବସରରେ ଏକାଧିକ କବୟିତ୍ରୀ ଓ କବି ସେମାନଙ୍କ ସ୍ୱରଚିତ କବିତା ପାଠ କରିଥିଲେ। ଅଶୋକ ମଲ୍ଲ, ସୌଦାମିନୀ ସ୍ୱାଇଁ, ବିଭୁତି ମିଶ୍ର, ଗୋପୀନାଥ ସେଠୀ ପ୍ରମୁଖ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ସ୍ୱର୍ଗତ ସଙ୍ଗୀତ ନିର୍ଦ୍ଦେଶକ ବାସୁଦେବ ରଥ, ନାଟ୍ୟକାର କାର୍ତ୍ତିକ ରଥ ଓ ବଂଶୀଧର ସାହୁଙ୍କ ସମ୍ମାନାର୍ଥେ ୨ ମିନିଟ ନୀରବ ପ୍ରାର୍ଥନା କରାଯାଇଥିଲା। ଶେଖ ଅବଦୁଲ୍ ଖାଲିକ ସ୍ୱାଗତ ଭାଷଣ ଦେଇଥିବା ବେଳେ ବିକାଶ ମଞ୍ଚ ସମ୍ପାଦକ ନିର୍ମଳ ଚନ୍ଦ୍ର ଶୂରଦେଓ ଧନ୍ୟବାଦ ଦେଇଥିଲେ।




କାର୍ଯ୍ୟକ୍ରମରେ ଯୋଗଦେଇଥିବା ଅତିଥିମାନେ।


**ତୃତୀୟ ଜନ୍ମଦିନ ଶୁଭେଚ୍ଛା**



**ସାଇ ସୌଭିକ (ଢୁଗୁ)**

ତୋର ୩ୟ ଜନ୍ମଦିନରେ ସାଇବାବାଙ୍କ ପାଖରେ ଏତିକି ପ୍ରାର୍ଥନା କରୁଛୁ ପ୍ରଭୁ ତୋତେ ସୁସ୍ଥ ଓ ଦୀର୍ଘାୟୁ ରଖନ୍ତୁ। ତୋ ଭବିଷ୍ୟତ ଉଜ୍ଜ୍ୱଳମୟ ହେଉ, ଚଲାପଥ କୁସୁମିତ ହେଉ ଏତିକି କାମନା ଜଣାଉଛୁ।

ଶୁଭେଚ୍ଛା ସହ

ବାପା– ବିଶିକେଶନ, ମାମା– ସୁଶ୍ରୀ ସଙ୍ଗିତା, ଜେଜେମା, ଅଜା, ଆଈ, ମାମୁ, ମଉସା, ମାଉସୀ, ଏବଂ ପରିବାରବର୍ଗ।

ଧ-୧୨୧୫୨

**ଦ୍ୱିତୀୟ ଜନ୍ମଦିନ ଶୁଭେଚ୍ଛା**



**ଶୁଭଲକ୍ଷ୍ମୀ ଦାସ(ମୁନ୍)**

ଶୁଭ ଜନ୍ମଦିନ ଅବସରରେ ପ୍ରଭୁ ଶ୍ରୀଗଣେଶ ଠାକୁରେ ତୋତେ ଭଲ ମଣିଷଟିଏ କରନ୍ତୁ।

ଶୁଭେଚ୍ଛା ସହ

ଜେଜେ ବାପା, ଜେଜେ ମା, ଆଈ, ବଡ଼ ବାପା, ବଡ଼ ବୋଉ, ବାପା, ମାମା, ମାମୁ, ମାଇଁ, ଦାଦା, ଦିଦି, ମଉସା, ମାଉସୀ, ପିଇସା, ପିଉସୀ।

ଧ-୧୨୧୫୧

**ଦ୍ୱିତୀୟ ଜନ୍ମବାର୍ଷିକୀ ଶୁଭେଚ୍ଛା**



**(ଗୁଡୁ)**

**ବିନୟ କ୍ରିଷ୍ଣ ତ୍ରିପାଠୀ**
ଭୁବନେଶ୍ୱର

ଶୁଭ ଜନ୍ମଦିନରେ ପ୍ରଭୁ ତୁମକୁ ଦୀର୍ଘାୟୁ କରନ୍ତୁ ଏବଂ ତୁମ ଚଲାପଥ ପୁଷ୍ପିତ ହେଉ।

ଶୁଭାଶୀର୍ବାଦ ସହ

ଜେଜେବାପା–ଜେଜେମାମାନେ, ନନା, ବୋଉ, ପିଇସା, ପିଇସିମାନେ, କାକାମାନେ, ଅଜା, ଆଈ, ମାମୁମାନେ, ମାଇଁ, ବନ୍ଧୁ ଓ ପରିବାରବର୍ଗ।

ଧ-୬୫୮୭୯

ଧରିତ୍ରୀ
DHARITRI
ଭୁବନେଶ୍ୱର, ସୋମବାର, ୧୫ ଏପ୍ରିଲ, ୨୦୧୯



ଅନ୍ତର୍ନିହିତ ଦେବତ୍ୱ ବିକାଶର ନାମ ହିଁ ଧର୍ମ।
- ସ୍ୱାମୀ ବିବେକାନନ୍ଦ

## ସଂକ୍ଷେପରେ

### କାର୍‌ରୁ ୧ଲକ୍ଷ ୨୫ ହଜାର ଟଙ୍କା ଜବତ

**ବୋଲଗଡ଼,୧୪।୪(ଡି.ଏନ.ଏ.):** ବଲାଙ୍ଗୀର ଖୋର୍ଦ୍ଧା ୫୭ନଂ ଜାତୀୟ ରାଜପଥର ବୋଲଗଡ ବ୍ଲକ ନିକଟରେ ଏଭି ଚେକିଂ ଚାଲିଛି। ରବିବାର ମାଜିଷ୍ଟ୍ରେଟ୍‌ଙ୍କ ଉପସ୍ଥିତିରେ ବୋଲଗଡ ଥାନା ପୋଲିସ ଏକ କାର୍‌ରୁ ୧ଲକ୍ଷ ୨୫ ହଜାର ଟଙ୍କା ଜବତ କରିଛି। ଥାନା ଆଇଆଇସି ସେଖ୍ ଆକବର ଅଲ୍ଲୀଙ୍କଠାରୁ ପ୍ରାପ୍ତ ସୂଚନା ଅନୁସାରେ, ଏକ ମାରୁତି କାର୍ ନଂ ଓଡି୧୯ଏଲ ୩୬୩୫କୁ ଯାଞ୍ଚ କଲାବେଳେ ଏହି ଟଙ୍କା ମିଳିଥିଲା। କାର୍‌ରେ ଥିବା ୨ଜଣ ଏତେ ଟଙ୍କା କାହିଁକି ନେଇ ଯାଉଛନ୍ତି ବୋଲି ପ୍ରଶ୍ନର ସନ୍ତୋଷଜନକ ଉତ୍ତର ଦେଇ ନ ପାରିବାରୁ ଏହି ଟଙ୍କାକୁ ଜବତ କରାଯାଇଛି। ନିର୍ବାଚନ ଆଦର୍ଶ ଆଚରଣ ବିଧି ଅନୁସାରେ ଜବତ ଟଙ୍କାକୁ ଖୋର୍ଦ୍ଧା ଟ୍ରେଜେରୀରେ ରଖାଯିବାକୁ ପୋଲିସ ପଠାଇଦେଇଥିବା ସୂଚନା ମିଳିଛି।

### ବୋଲଗଡ଼ରେ ଝାମୁଯାତ୍ରା



**ବୋଲଗଡ଼,୧୪।୪(ଡି.ଏନ.ଏ.):** ବୋଲଗଡ଼ ବ୍ଲକର ବିଭିନ୍ନ ଗ୍ରାମରେ ଆୟୋଜିତ ଦଣ୍ଡକାଳିଙ୍କ ଉଦ୍‌ଯାପନୀ ଉତ୍ସବ ରବିବାର ଅନୁଷ୍ଠିତ ହୋଇଛି। ପଣାସଂକ୍ରାନ୍ତି ଅବସରରେ ସମ୍ଭୁର, ଅସରଳା, କଅଁରପୁର, ଗିରିଗିରିଆ, ସାନପଦର, ସାନବାଡ-ଚମ୍ପାଇଲୋ, ଖଉରୁଣୀ,ଆରିକମା, କାଦୁଆପଡା, ଗେଡିଆପଲ୍ଲୀ, ଗର୍ଭଣୀପଡା, ହାଟବସ୍ତ, ବୋଲଗଡ, ମାଣିକାଗୋଡା, ଚଟୁଆ ଆଦି ଗ୍ରାମରେ ଝାମୁଯାତ୍ରା ପାଳିତ ହୋଇଯାଇଛି। ଏହି ଯାତ୍ରା ପାଇଁ ପୃଥକ୍ ପୃଥକ୍ ସ୍ଥାନରେ ୨୧ହାତ, ୫୧ହାତ ଓ ୧୨୦ହାତ ଲମ୍ବର ନିଆଁ ଗାଡ଼ ପ୍ରସ୍ତୁତ କରାଯାଇଥିଲା। ନିଆଁ ଉପରେ ପ୍ରଥମେ ରାଜଦଣ୍ଡୁଆ ଓ ମନ୍ତ୍ରୀ ଦଣ୍ଡୁଆଙ୍କ ପରେ ଦଣ୍ଡୁଆମାନେ ଜଣକ ପରେ ଜଣେ ଚାଲିଥିଲେ । ସେହିପରି ଭକ୍ତ ଓ ମାନସିକଧାରୀ ଶ୍ରଦ୍ଧାଳୁମାନେ ମଧ ଝାମୁରେ ଚାଲିଥିଲେ । ଗ୍ରୀଷ୍ମ ପ୍ରବାହକୁ ଦୃଷ୍ଟିରେ ରଖି ସାନପଦରସ୍ଥିତ ସାରସ୍ୱତ ପାଠାଗାର ଯୁବକମାନେ ଶ୍ରଦ୍ଧାଳୁ ଓ ଦର୍ଶକଙ୍କୁ ଦହି ସରବତ ବଣ୍ଟନ କରିଥିଲେ।

### ଖଣ୍ଡପଡ଼ାର ବିଭିନ୍ନ ସ୍ଥାନରେ ମହାବୀର ଜୟନ୍ତୀ

ଖଣ୍ଡପଡ଼ା,୧୪।୪(ସ୍ୱ.ପ୍ର.)-ମହାବିଷୁବ ସଂକ୍ରାନ୍ତିରେ ଖଣ୍ଡପଡ଼ା ବ୍ଲକ କଣ୍ଟିଲୋ, ମର୍ଦ୍ଦରାଜପୁର, ବଡବାଣପୁର, ସିଧାମୂଳା, ଖଳିସାହି ଆଦି ବହୁ ହନୁମାନ ପୀଠ ଓ ମନ୍ଦିରରେ ମହାବୀର ଜୟନ୍ତୀ ପାଳିତ ହୋଇଯାଇଛି। ଏହି ଉପଲକ୍ଷେ ନୀଳମାଧବ ପୀଠସ୍ଥ ହନୁମାନଙ୍କ ମନ୍ଦିର, ଯାତ୍ରାପଦା ବଜାର ପଞ୍ଚମୁଖୀ ହନୁମାନ, ଗୋକୁଳାନନ୍ଦ ଜୀଉ ପୀଠ ଆଦି ମହାବୀର ମନ୍ଦିରରେ ପ୍ରାତଃ କାଳରେ କଳସ ଯାତ୍ରା ଅନୁଷ୍ଠିତ ହୋଇଥିଲା । ପୂର୍ବାହ୍ନ ୯ଟାରୁ ଅପରାହ୍ନ ୫ଟା ପର୍ଯ୍ୟନ୍ତ ଅଖଣ୍ଡ ହନୁମାନ ଚାଳିଶା ଓ ଘୃତଯଜ୍ଞ ଆୟୋଜିତ ହୋଇଥିଲା । ସନ୍ଧ୍ୟା ସାଢେ ୫ଟାରେ ପୂର୍ଣ୍ଣାହୁତି ସମ୍ପୂର୍ଣ୍ଣ ହୋଇଥିଲା । ସନ୍ଧ୍ୟା ୮ଟାରେ ଅନ୍ନଯଜ୍ଞ ଓ ଭଜନ ସମାରୋହ ଅନୁଷ୍ଠିତ ହୋଇଥିଲା । ସେହିପରି ବଡବାଣପୁର ମହାବୀର ଭକ୍ତବୃନ୍ଦଙ୍କ ଆନୁକୂଲ୍ୟରେ ୪ ଦିନ ଏହି ଉତ୍ସବ ପାଳନ କରାଯିବ ବୋଲି ଅନୁଷ୍ଠାନର ସଭାପତି ଓ ସମ୍ପାଦକ ଯଥାକ୍ରମେ କୃତାର୍ଥ ପ୍ରଧାନ ଓ ପ୍ରଭାତ କୁମାର ପ୍ରଧାନଙ୍କଠାରୁ ପ୍ରକାଶ ।

### ଜଳଛତ୍ର ଖୋଲିବା ଦାବି

**ଦଶପଲ୍ଲା,୧୪।୪ (ଡି.ଏନ.ଏ.):** ଅସହ୍ୟ ଖରାରେ ଜନଜୀବନ ଅସ୍ତବ୍ୟସ୍ତ ହୋଇ ପଡୁଥିବା ବେଳେ ଦଶପଲ୍ଲା ବ୍ଲକର ଆଦିବାସୀ ଅଧ୍ୟୁଷିତ କୁଲୁରୁକୁମ୍ପା ପଞ୍ଚାୟତରେ ଏପର୍ଯ୍ୟନ୍ତ ଜଳଛତ୍ର ଖୋଲାଯାଇ ନ ଥିବା ସ୍ଥାନୀୟ ଲୋକେ ଅଭିଯୋଗ କରିଛନ୍ତି। ପଞ୍ଚାୟତ ଅଧୀନ ବିଭିନ୍ନ ଛକ ଓ ବସ୍‌ଷ୍ଟାଣ୍ଡରେ ପ୍ରତିବର୍ଷ ଏହି ସମୟ ବେଳକୁ ଜଳଛତ୍ର ଖୋଲାଯାଇଥିବା ବେଳେ ବର୍ତ୍ତମାନ ସୁଦ୍ଧା ପଦକ୍ଷେପ ନିଆଯାଇ ନ ଥିବାରୁ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି। ପ୍ରଶାସନ ଏ ଦିଗରେ ଦୃଷ୍ଟି ଦେବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।

## ପୁରୀ ପ୍ରଶାସନର ଭୋଟ ଗ୍ରହଣ ପ୍ରସ୍ତୁତି

# ମହିଳା ପୋଲିଂ କର୍ମଚାରୀଙ୍କ ପାଇଁ ସ୍ୱତନ୍ତ୍ର ବ୍ୟବସ୍ଥା

**ପୁରୀ ଅଫିସ,୧୪।୪**

ସାଧାରଣ ନିର୍ବାଚନକୁ ଅବାଧ, ନିରପେକ୍ଷ ଓ ମୁକ୍ତ କରିବା ପାଇଁ ପୁରୀ ଜିଲା ପ୍ରଶାସନ ପକ୍ଷରୁ ପ୍ରସ୍ତୁତି ଚୂଡ଼ାନ୍ତ ପର୍ଯ୍ୟାୟରେ ପହଞ୍ଚିଛି। ତେବେ ଭୋଟ ଗ୍ରହଣ ଲାଗି ପ୍ରଶାସନର ପ୍ରସ୍ତୁତି ଏବଂ ପଦକ୍ଷେପ ସମ୍ପର୍କରେ ରବିବାର ସର୍କିଟ ହାଉସ୍‌ରେ ଏକ ଖବରଦାତା ସମ୍ମିଳନୀ ଅନୁଷ୍ଠିତ ହୋଇଥିଲା। ଏଥିରେ ଜିଲାପାଳ ଜ୍ୟୋତିପ୍ରକାଶ ଦାସ ଯୋଗଦେଇ ଭୋଟ ଗ୍ରହଣ ସଂକ୍ରାନ୍ତରେ ବିସ୍ତୃତ ସୂଚନା ପ୍ରଦାନ କରିଥିଲେ। ଜିଲାପାଳ କହିଥିଲେ, ପୁରୀ ଜିଲାରେ ୬ଟି(ବ୍ରହ୍ମଗିରି, ସତ୍ୟବାଦୀ, ପିପିଲି, ପୁରୀ, କାକଟପୁର ଓ ନିମାପଡ଼ା)ନିର୍ବାଚନମଣ୍ଡଳୀ ରହିଛି। ପୁରୀ ଲୋକ ସଭା ନିର୍ବାଚନମଣ୍ଡଳୀ ଅଧୀନରେ ୭ଟି ବିଧାନସଭା ନିର୍ବାଚନମଣ୍ଡଳୀ ଅଛି। ସେଥିରୁ ପୁରୀ ଜିଲାର ୪ଟି (ବ୍ରହ୍ମଗିରି, ସତ୍ୟବାଦୀ, ପିପିଲି ଓ ପୁରୀ), ନୟାଗଡ଼ ଜିଲାର ୨ଟି (ନୟାଗଡ଼ ଓ ରଣପୁର) ଓ ଖୋର୍ଦ୍ଧା ଜିଲାର ଗୋଟିଏ (ଚିଲିକା) ନିର୍ବାଚନ ମଣ୍ଡଳୀ ରହିଛି। ଆସନ୍ତା ୨୩ ତାରିଖରେ ପୁରୀ ଲୋକ ସଭା ଅନ୍ତର୍ଗତ ବିଧାନସଭା ନିର୍ବାଚନମଣ୍ଡଳୀରେ ଭୋଟ ଗ୍ରହଣ ହେବ। ଏପ୍ରିଲ ୨୯ରେ ଜଗତ୍‌ସିଂହପୁର ଲୋକ ସଭା ଅଧୀନରେ ଥିବା କାକଟପୁର ଏବଂ ନିମାପଡ଼ା ନିର୍ବାଚନମଣ୍ଡଳୀରେ ଭୋଟ ଗ୍ରହଣ କରାଯିବ। ତେଣୁ ଏହି ଦୁଇ ପର୍ଯ୍ୟାୟରେ ହେବାକୁ ଥିବା ଭୋଟ ଗ୍ରହଣ ଲାଗି ପ୍ରଶାସନ ପ୍ରସ୍ତୁତ ରହିଛି ।



ଖବରଦାତା ସମ୍ମିଳନୀରେ ଜିଲାପାଳ ସୂଚନା ଦେଉଛନ୍ତି।

ପୋଲିଂ ଅଫିସରମାନଙ୍କୁ ଏସ୍‌ସିଏସ୍ କଲେଜ ଏବଂ ଜିଲା ସ୍କୁଲରେ ତାଲିମ ପ୍ରଦାନ କରାଯାଉଛି। ୨୩ ତାରିଖରେ ହେବାକୁ ଥିବା ନିର୍ବାଚନ ଲାଗି ୨୧ ତାରିଖରେ ପୋଲିଂ ପାର୍ଟିଙ୍କୁ ପଠାଯିବ। ସେହିପରି ୨୯ ତାରିଖରେ କାକଟପୁର ଏବଂ ନିମାପଡ଼ା ନିର୍ବାଚନମଣ୍ଡଳୀ ଲାଗି ୨୭ ତାରିଖରେ ପୋଲିଂ ପାର୍ଟିଙ୍କୁ ପଠାଯିବ। ପୁରୀ କେନ୍ଦ୍ରୀୟ ବିଦ୍ୟାଳୟଠାରେ ନିର୍ବାଚନରେ ନିୟୋଜିତ ପୋଲିଂ ପାର୍ଟିମାନଙ୍କୁ ପଠାଇବା ଓ ନିର୍ବାଚନ ସାମଗ୍ରୀ ରଖିବା ଲାଗି ସମସ୍ତ ପ୍ରକାର ବ୍ୟବସ୍ଥା କରାଯାଇଛି। ପ୍ରାୟ ୭୦୦ ଗାଡ଼ି ସାଙ୍ଗକୁ ଅନ୍ୟାନ୍ୟ ଆନୁଷଙ୍ଗିକ ବ୍ୟବସ୍ଥା ହୋଇଛି। ଏଥର ପ୍ରାୟ ୧,୨୦୦ ମହିଳା ପୋଲିଂ କର୍ମଚାରୀ ରହିଛନ୍ତି। ସେମାନଙ୍କ ପାଇଁ ସ୍ୱତନ୍ତ୍ର ବ୍ୟବସ୍ଥା କରାଯାଇଛି। ମହିଳା ପୋଲିଂ କର୍ମଚାରୀଙ୍କ ଲାଗି ପ୍ରତି ବ୍ଲକରେ ଫାସିଲିଟେଶନ ସେଣ୍ଟର କରାଯାଇଛି। ରାତିରେ ପୋଲିସ ସୁରକ୍ଷା ମଧ୍ୟରେ ବ୍ଲକ ସଦର ମହକୁମାରେ ରହିବେ। ସେକ୍ଟର ଅଫିସର ତାଙ୍କ ଗାଡିରେ ଏମାନଙ୍କୁ ନେଇ ବୁଥ୍‌ରେ ପହଞ୍ଚାଇବେ ଏବଂ ଆଣିବେ।

ଆଦର୍ଶ ଆଚରଣବିଧି ଲାଗୁହେବା ପରଠାରୁ ଜିଲା ପ୍ରଶାସନ ଏବଂ ପୋଲିସ ପକ୍ଷରୁ କାର୍ଯ୍ୟାନୁଷ୍ଠାନ ହୋଇଛି। ପ୍ରତି ବିଧାନସଭା ନିର୍ବାଚନମଣ୍ଡଳୀରେ ଫ୍ଲାଇଂ ସ୍କ୍ୱାଡ୍ ଓ ଷ୍ଟାଟିକ୍ ସର୍ଭେଲାନ୍ସ ଟିମ୍ କାର୍ଯ୍ୟ କରୁଛନ୍ତି। ବର୍ତ୍ତମାନ ସୁଦ୍ଧା ମୋଟ ୨୭ଲକ୍ଷ ୧୬ ହଜାର ଟଙ୍କା ଜବତ ହୋଇଛି। ନିର୍ବାଚନ ଆଚରଣବିଧି ଲାଗୁ ହେବା ପରେ ପ୍ରାୟ ୨୭ ହଜାର ବେଆଇନ ପୋଷ୍ଟର, ବ୍ୟାନର, ହୋର୍ଡିଂ ଆଦି ହଟାଯାଇଛି। ଏସ୍‌ପି ଉମାଶଙ୍କର ଦାଶ ପୋଲିସ ପକ୍ଷରୁ ହେଉଥିବା କାର୍ଯ୍ୟାନୁଷ୍ଠାନ ବିଷୟରେ ସୂଚନା ଦେଇଥିଲେ। ଏପର୍ଯ୍ୟନ୍ତ ଅବକାରୀ ବିଭାଗ ପକ୍ଷରୁ ୩୫୧ଟି ଚଢାଉ କରାଯାଇ ୭୪ଟି କେସ୍ ରୁଜୁ ହୋଇ ୬୫ ଜଣଙ୍କୁ ଗିରଫ କରାଯାଇଛି। ୧୪ଲକ୍ଷ ୪୭ ହଜାର ୯୭୨ ଟଙ୍କାର ଅବକାରୀ ଦ୍ରବ୍ୟ ଜବତ କରାଯାଇଛି। ଗତ ୧୦ ତାରିଖରେ ସତ୍ୟବାଦୀ ନିର୍ବାଚନ ମଣ୍ଡଳୀରେ ଫ୍ଲାଇଂ ସ୍କ୍ୱାଡ୍ ୪୦ଟି ଗ୍ୟାସ୍ ସିଲିଣ୍ଡର ଗୋଟିଏ ଗାଡ଼ିରୁ ଜବତ କରିଛି। ପୋଲିସ ମଧ ୧୧୮ଟି କେସ୍ ରୁଜୁ କରିଛି। ୫ଟି ବେଆଇନ ଅସ୍ତ୍ର ଜବତ କରାଯାଇଛି। ୩୧୯ଟି ଲାଇସେନ୍ସପ୍ରାପ୍ତ ଅସ୍ତ୍ର ପୋଲିସ ନିକଟରେ ଜମା ହୋଇଛି। ୧୪ ଜଣଙ୍କ ବିରୋଧରେ ଜାମିନବିହୀନ ଗିରଫ ପରୱାନା ଜାରି କରାଯାଇଛି ବୋଲି ଏସ୍‌ପି କହିଥିଲେ। ଏହି ଖବରଦାତା ସମ୍ମିଳନୀରେ ଅତିରିକ୍ତ ଜିଲାପାଳ ବିନୟ କୁମାର ଦାଶ, ଉପଜିଲାପାଳ ଭବତାରଣ ସାହୁ ପ୍ରମୁଖ ଉପସ୍ଥିତ ଥିଲେ।

## ସବୁଠି ପାଳନ ହେଲା ମହାବିଷୁବ ସଂକ୍ରାନ୍ତି

**ନୟାଗଡ଼ ଅଫିସ,୧୪।୪**

ନୟାଗଡ଼ ଜିଲାର ବିଭିନ୍ନ ସ୍ଥାନରେ ରବିବାର ମହାବିଷୁବ ସଂକ୍ରାନ୍ତି (ଓଡ଼ିଆ ନବବର୍ଷ) ଧୁମ୍‌ଧାମରେ ପାଳିତ ହୋଇଯାଇଛି। ସହର ଉପକଣ୍ଠ ଦୁର୍ଗାପ୍ରସାଦ ଗ୍ରାମରେ ଝାମୁଯାତ୍ରା ଅବସରରେ ପାଟୁଆ ଦଣ୍ଡମାନେ ନିଆଁରେ ଚାଲୁଥିବା ଦେଖିବାକୁ ମିଳିଥିଲା। ଗ୍ରାମବାସୀଙ୍କ ସହଯୋଗରେ ବହୁବର୍ଷ ଧରି ଏଠାରେ ଯାତ୍ରା ପାଳିତ ହୋଇଆସୁଛି। ନୟାଗଡ଼ ବ୍ଲକ ରାଜପାଟଣା ଓ ଓଡ଼ଗାଁ ବ୍ଲକ ଗୋଡ଼ିପଡ଼ାରେ ଝାମୁଯାତ୍ରା ଅନୁଷ୍ଠିତ ହୋଇଥିଲା। ସଂକ୍ରାନ୍ତି ପାଇଁ ସକାଳୁ ସହରରେ ଥିବା ଦକ୍ଷିଣକାଳୀ ମନ୍ଦିରରେ ଭିଡ଼ ଲାଗିରହିଥିଲା। ମା'ଙ୍କ ଦର୍ଶନ ଲାଗି ଶ୍ରଦ୍ଧାଳୁଙ୍କ ଲମ୍ବା ଧାଡ଼ି ଲାଗିଥିଲା। ସମସ୍ତ ନୀତିକାନ୍ତି ସମ୍ପନ୍ନ ପରେ ରାତିରେ ମାନସିକଧାରୀ ଶ୍ରଦ୍ଧାଳୁମାନେ ବାଣ ଫୁଟାଉଥିବା ଦେଖିବାକୁ ମିଳିଥିଲା। ଶାନ୍ତିଶୃଙ୍ଖଳା ପାଇଁ ଜିଲା ପୋଲିସ ତରଫରୁ ମନ୍ଦିରରେ ୨ ପ୍ଲାଟୁନ ଫୋର୍ସ ମୁତୟନ ହୋଇଥିଲେ। ୧୯ ତାରିଖ ପର୍ଯ୍ୟନ୍ତ ହେବାକୁ ଥିବା ଏହି ଯାତ୍ରା ଦେଖିବା ପାଇଁ ରାଜ୍ୟର ବିଭିନ୍ନ ସ୍ଥାନରୁ ଲୋକଙ୍କ ଭିଡ଼ ପରିଲକ୍ଷିତ ହେଉଛି। ଇଟାମାଟି ଦେଉଳସାହି ଗୋପୀନାଥ ଜୀଉଙ୍କ ମନ୍ଦିର ପ୍ରାଙ୍ଗଣରେ ଥିବା ହନୁମାନ ମନ୍ଦିରରେ ମହାବୀର ଜୟନ୍ତୀ ପାଳନ ହୋଇଥିଲା। ଏହି ଅବସରରେ ଲକ୍ଷ୍ମୀପ୍ରସାଦ ପଞ୍ଚାୟତ ବରପଲ୍ଲୀ ଗ୍ରାମର ଯୁବକମାନେ ସଫେଇ କାର୍ଯ୍ୟରେ ସାମିଲ ହୋଇଥିବାବେଳେ ଆଙ୍କୁଲାଇ ଗ୍ରାମର ଯୁବକମାନେ ପଣା ବଣ୍ଟନ କରିଥିଲେ। ପଣାସଂକ୍ରାନ୍ତି ପାଇଁ ସବୁଆଡ଼େ ଭକ୍ତିମୟ ପରିବେଶ ଦେଖିବାକୁ ମିଳିଥିଲା।



ଦକ୍ଷିଣକାଳୀ ମା'ଙ୍କ ବେଶ।



ଦକ୍ଷିଣକାଳୀ ମନ୍ଦିରରେ ଶ୍ରଦ୍ଧାଳୁଙ୍କ ଭିଡ଼।

## ସହର ପରିକ୍ରମା କଲେ ଦଣ୍ଡୁଆ

**ରଣପୁର,୧୪।୪(ସ୍ୱ.ପ୍ର.)**

ରଣପୁର ବ୍ଲକ ଓ ଏନ୍‌ଏସି ଅଞ୍ଚଳରେ ୧୭ ଦିନ ଧରି ଚାଲୁଥିବା ଦଣ୍ଡଯାତ୍ରା ରବିବାର ଉଦ୍‌ଯାପିତ ହୋଇଯାଇଛି। ରଣପୁର ପୌର ପରିଷଦର ମୁଖ୍ୟ ରାସ୍ତା କାମନା ଘର, ଶାମୁକା ସାହି, ପୁରୁଣାବସନ୍ତ, ସାନଗଡ ଇତ୍ୟାଦି ସ୍ଥାନଗୁଡିକ ଏଥିଲାଗି ଚଳଚଞ୍ଚଳ ହୋଇପଡିଥିଲା। ଦଣ୍ଡୁଆମାନେ ଦଣ୍ଡ ଠାକୁରଙ୍କୁ ସକାଳୁ ବିଭିନ୍ନ ପୁଷ୍କରିଣୀରେ ସ୍ନାନ କରାଇ କାମନା ଘରକୁ ନେଇଥିଲେ। ପ୍ରବଳ ଗ୍ରୀଷ୍ମ ପ୍ରବାହ ସତ୍ତ୍ୱେ ଦଣ୍ଡୁଆ ଓ ମନସ୍କାମନା ରଖିଥିବା ଶ୍ରଦ୍ଧାଳୁମାନେ ନିଆଁଗାଡରେ ଠାକୁରଙ୍କୁ ଧରି ଚାଲିଥିଲେ। ଭକ୍ତମାନଙ୍କ ସହିତ ପିଲାମାନେ ମଧ ଗାଡ଼ରେ ଚାଲୁଥିବା ଦେଖାଯାଇଥିଲା। ବିଭିନ୍ନ ସ୍ଥାନରେ ଏହି ନିଆଁ ଗାଡ ୨୧ ହାତରୁ ଆରମ୍ଭ ହୋଇ ୩୧ ହାତ ପର୍ଯ୍ୟନ୍ତ ପ୍ରସ୍ତୁତ ହୋଇଥିଲା। ଏହାକୁ ଦର୍ଶନ କରିବା ନିମନ୍ତେ ହଜାର ହଜାର ଭକ୍ତଙ୍କ ସମାଗମ ହୋଇଥିଲା। ମଧ୍ୟାହ୍ନରେ ରଣପୁର ଚଣ୍ଡେଶ୍ୱର ଠାକୁରଙ୍କ ୩ଜଣ ଭଗତା ପିଠିରେ ପାଟକଣ୍ଟା ଫୋଡିହୋଇ ରଣପୁର ସହର, ସାହି ପରିକ୍ରମା କରିଥିଲେ।



ପିଠିରେ ପାଟକଣ୍ଟା ଫୋଡ଼ିଛନ୍ତି ୨ ଭଗତା।

## ଶ୍ରୀମନ୍ଦିର ପାରମ୍ପରିକ ମହୋତ୍ସବ ଉଦ୍‌ଘାଟିତ

**ପୁରୀ ଅଫିସ, ୧୪।୪**

ଶ୍ରୀକ୍ଷେତ୍ର ହନୁମାନ ଜୟନ୍ତୀ କମିଟି ଆନୁକୂଲ୍ୟରେ ତ୍ରିଦିବସୀୟ ୪୯ତମ ବାର୍ଷିକ ଶ୍ରୀମନ୍ଦିର ପାରମ୍ପରିକ ମହୋତ୍ସବ ୨୦୧୯ ସିଂହଦ୍ୱାର ନିକଟରେ ରବିବାର ଉଦ୍‌ଘାଟିତ ହୋଇଯାଇଛି। ସକାଳ ସମୟରେ ଶ୍ରୀ ହନୁମାନଙ୍କ ଜନ୍ମୋତ୍ସବ, ମଧ୍ୟାହ୍ନରେ ଦରିଦ୍ର ନାରାୟଣ ସେବା, ସନ୍ଧ୍ୟାରେ ପାରମ୍ପରିକ ମହୋତ୍ସବର ଆନୁଷ୍ଠାନିକ ଉଦ୍‌ଘାଟନ ହୋଇଥିଲା। ଇଂ.ବଳଦେବ ସିଂହାରୀଙ୍କ ସଭାପତିତ୍ୱରେ ଆୟୋଜିତ ଉଦ୍‌ଘାଟନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ବରିଷ୍ଠ ସେବାୟତ ରବି ନାରାୟଣ ଗୁରୁ ଓ ସମ୍ମାନିତଅତିଥି ଭାବେ ଭଗବାନ ସୁଆର ଯୋଗଦେଇଥିଲେ। ସମ୍ପାଦକ ଚନ୍ଦ୍ର ମାଧବ ପୂଜାପଣ୍ଡା, କାର୍ଯ୍ୟକ୍ରମ ସଂଯୋଜକ ଅମିତ କୁମାର ଦାସ ମହାପାତ୍ର, ପରିଚାଳନା ସମ୍ପାଦକ ସୁଦର୍ଶନ ପୂଜାପଣ୍ଡା ସାମନ୍ତ ପ୍ରମୁଖ ଉପସ୍ଥିତ ଥିଲେ। ପ୍ରଥମ ଦିବସରେ ନୀଳାଦ୍ରି ସତ୍‌ସଙ୍ଗର ଚାରଣ ଗୋଷ୍ଠୀ ପାରାୟଣ ପାଠ କରିଥିଲେ। ପରିଚାଳନାରେ ପଣ୍ଡିତ ହରିହର ମହାପାତ୍ର, ବିଜୟରାଜ ପୂଜାପଣ୍ଡା, ଦେବାଶିଷ ମିଶ୍ର, ଯତୀନ୍ଦ୍ର ପାଣିଗ୍ରାହୀ, ଆଶିଷ କୁମାର ମିଶ୍ର ଓ ଦିବାକର ପଣ୍ଡା ପ୍ରମୁଖ ସହଯୋଗ କରିଥିଲେ।

## ରାଜ୍ୟସ୍ତରୀୟ ସାହିତ୍ୟିକ ସମାବେଶ

**ନୟାଗଡ଼ ଅଫିସ,୧୪।୪**

ନୟାଗଡ଼ ବ୍ଲକ ଇଟାମାଟିସ୍ଥିତ ବଂଶୀଧର ଡିଗ୍ରୀ ମହାବିଦ୍ୟାଳୟରେ ରବିବାର ପଣାସଂକ୍ରାନ୍ତି ଉପଲକ୍ଷେ ବିଷୁବ ମିଳନ ଓ ରାଜ୍ୟସ୍ତରୀୟ ସାହିତ୍ୟିକ ସମାବେଶ ଅନୁଷ୍ଠିତ ହୋଇଯାଇଛି। ସାମାଜିକ କର୍ମୀ ଉମେଶ ପଟ୍ଟନାୟକଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ସମାବେଶରେ ଭାଷା ଓ ସଂସ୍କୃତି ଶୀର୍ଷକ ଏକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଥିଲା। ପଣ୍ଡିତ ଚନ୍ଦ୍ରମଣି ପ୍ରଧାନ ମୁଖ୍ୟଅତିଥି ଓ ଖବରଦାତା ରାମକୃଷ୍ଣ ରଥ, କବି ଗୋଦାବରୀଶ ମିଶ୍ର, ଅନୁବାଦକ ଶରତ ଚନ୍ଦ୍ର ଆଚାର୍ଯ୍ୟ, ଶିଶୁ ସାହିତ୍ୟିକା ବସରିନ୍ ବିବି, ବ୍ୟଙ୍ଗ କବି ରବୀନ୍ଦ୍ର କୁମାର ରାଉତ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଓଡ଼ିଆ ଭାଷା ଓ ସଂସ୍କୃତିର ଗରିମା ଉପରେ ବକ୍ତବ୍ୟ ରଖିଥିଲେ। ଏହି ଅବସରରେ ୫ ଜଣ ସାରସ୍ୱତ ସାଧକଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଉପସ୍ଥିତ କବୟିତ୍ରୀ ଓ କବିମାନେ ସେମାନଙ୍କ ସ୍ୱରଚିତ କବିତା ପାଠ କରିଥିଲେ। କବୟିତ୍ରୀ ତଟ୍ଟ ପଟ୍ଟନାୟକ କାର୍ଯ୍ୟକ୍ରମ ସଂଯୋଜନା କରିଥିବା ବେଳେ ମହାବିଦ୍ୟାଳୟ ଅଧ୍ୟକ୍ଷ ହରପ୍ରସାଦ ରଣସିଂ ଧନ୍ୟବାଦ ଦେଇଥିଲେ।




ଜଣେ କବୟିତ୍ରୀ କବିତା ପାଠ କରୁଛନ୍ତି।

## ମହାବିଷୁବ ସଂକ୍ରାନ୍ତିରେ ଅଖଣ୍ଡ ହନୁମାନ ଚାଳିଶା

**ରଣପୁର,୧୪।୪(ସ୍ୱ.ପ୍ର.)**

ମହାବିଷୁବ ସଂକ୍ରାନ୍ତି ଅବସରରେ ରବିବାର ରଣପୁର ବ୍ଲକର ସୁନାଖଲା, ଚାନ୍ଦପୁର, ଦର୍ପନାରାୟଣପୁର, ଗୋପାଳପୁର ଅଞ୍ଚଳସ୍ଥ ବିଭିନ୍ନ ପୀଠରେ ହନୁମାନ ଜୟନ୍ତୀ ପାଳିତ ହୋଇଯାଇଛି। ଏହି ଉପଲକ୍ଷେ କୋଟଗଡ଼ସ୍ଥିତ ମହାବୀରଙ୍କ ମନ୍ଦିରରେ ପ୍ରାତଃ କାଳରେ କଳସ ଯାତ୍ରା ଅନୁଷ୍ଠିତ ହୋଇଥିଲା। ପୂର୍ବାହ୍ନରେ ଅଖଣ୍ଡ ହନୁମାନ ଚାଳିଶା, ଘୃତ ଯଜ୍ଞ ଓ ଅପରାହ୍ନ ପ୍ରାୟ ୫ଟାରେ ପୂର୍ଣ୍ଣାହୁତି ସମ୍ପୂର୍ଣ୍ଣ ହୋଇଥିଲା। ଏହି ଅବସରରେ କୋଟଗଡ ହନୁମାନଙ୍କ ମନ୍ଦିରରେ ଏକ ବନ୍ଧୁମିଳନ ବରିଷ୍ଠ ଆଇନଜୀବୀ ଗିରିଜାକାନ୍ତ ମହାପାତ୍ରଙ୍କ ନେତୃତ୍ୱରେ ଅନୁଷ୍ଠିତ ହୋଇଥିଲା। ସେହିପରି ମା' ମଣିନାଗ ପାହାଡସ୍ଥିତ ରାମଭକ୍ତ ହନୁମାନଙ୍କ ମନ୍ଦିରରେ ହୋମ, ଯଜ୍ଞ ଓ ପୂଜାର୍ଚ୍ଚନା ଆଦି ହୋଇଥିଲା। ଜୟନ୍ତୀ ଉତ୍ସବରେ ଶ୍ରଦ୍ଧାଳୁମାନେ ଉପସ୍ଥିତ ଥିଲେ।



ମହାବୀର ମନ୍ଦିରରେ ପ୍ରଭୁ ଶ୍ରୀରାମ, ଲକ୍ଷ୍ମଣ, ସୀତା ଓ ହନୁମାନ।

# ଭକ୍ତି, ବିଶ୍ୱାସର ପର୍ବ ପାଟମରା

**ଅଜୟ କୁମାର ମହାରଣା**
**ଖଣ୍ଡପଡ଼ା,୧୪।୪**

ଓଡ଼ିଶାର କେତେକ ଦେବୀଦେବ ପୀଠରେ ଅଜବ ସଂସ୍କୃତି, ପରମ୍ପରା ଓ ଭିନ୍ନ ଧରଣର ପୂଜା ନୀତି ଦେଖିବାକୁ ମିଳିଥାଏ । ଏହିକ୍ରମରେ ହରିସୁବୁଦ୍ଧିପାଟଣା ଓ ପାଣ୍ଡୁସାହୁପାଟଣାର ତିଅର ସମ୍ପ୍ରଦାୟ ଦ୍ୱାରା ପାଳିତ ହେଉଥିବା ପାଟମରା ପର୍ବ ଏକ ପରମ୍ପରା ନିଆରା । ଉଲ୍ଲେଖଯୋଗ୍ୟ, ଚୈତ୍ରମାସରେ ପାଳିତ ଦଣ୍ଡଯାତ୍ରାରେ ଭକ୍ତ, ମାନସିକଧାରୀମାନେ ବେକରେ ପଇତା ପକାଇ ଆମିଷଠାରୁ ଦୂରରେ ରହୁଥିବା ବେଳେ ଏଠାରେ ମା'ମଙ୍ଗଳାଙ୍କୁ ମଦ ଓ ଅଣ୍ଡା ଭୋଗ ଅର୍ପଣ କରାଯାଏ । ରଡ଼ ନିଆଁରେ ଚାଲିବା, କଣ୍ଟା ଶେଯରେ ଗଡ଼ିବା ଓ ପିଠିରେ କଣ୍ଟାଫୋଡି ଅରଟରେ ଓହଳିବା ପରି ସାଧନାକୁ କେହି ଅନ୍ଧବିଶ୍ୱାସ ବା କୁଛ୍ର ସାଧନା ବୋଲି କହିପାରନ୍ତି । ମାତ୍ର ଏହି ଦଣ୍ଡକୁ ସିଦ୍ଧିର ଚରମ ପନ୍ଥା ବୋଲି ବାଛି ନେଇଛନ୍ତି ଦଣ୍ଡ ବ୍ରତଧାରୀ ଭକ୍ତମାନେ ।

ଦୋଳପୂର୍ଣ୍ଣମୀଠାରୁ ଆରମ୍ଭ ହୋଇଥାଏ ଏହି ସାଧନାର ପର୍ବ । ଭକ୍ତମାନେ ଦୋଳ ପୂର୍ଣ୍ଣମୀଠାରୁ ଆମିଷ ଭୋଜନଠାରୁ ସମ୍ପୂର୍ଣ୍ଣ ଦୂରରେ ରହିଥାନ୍ତି। ରବିବାର ବିଷୁବ ସଂକ୍ରାନ୍ତି ଉପଲକ୍ଷେ ଖଣ୍ଡପଡ଼ା ବ୍ଲକ ଅନ୍ତର୍ଗତ ଢୋଲମରା, କୁମ୍ଭାରପଡା, କଣ୍ଟିଲୋ ପାଣ୍ଡୁସାହୁପାଟଣା ତିଅରସାହି ଓ ହରିସୁବୁଦ୍ଧି ପାଟଣା ପାଟମରା ଉତ୍ସବରେ ଏହା ଦେଖିବାକୁ ମିଳେ । ବିଷୁବ ସଂକ୍ରାନ୍ତିରେ ମା'ଙ୍କୁ ମଦ, ଅଣ୍ଡାରେ ପୂଜା କରାଯାଇଥିଲା। ଭକ୍ତମାନେ ସଂକ୍ରାନ୍ତିର ୯ ଦିନ ପୂର୍ବରୁ ନିଜ ଘରଛାଡି ମା'ଙ୍କ ପୀଠରେ ରହି ଦିନବେଳା ସମ୍ପୂର୍ଣ୍ଣ ନିର୍ଜଳା ରହିଥାନ୍ତି । ସନ୍ଧ୍ୟା ବା ରାତିରେ ମାତ୍ର ପଣା ଗ୍ଲାସ୍‌ଟିଏ ପିଇଥାନ୍ତି। ଖାଇବା ସମୟରେ କୌଣସି ପ୍ରାଣୀର ଯଦି ଶବ୍ଦ ଶୁଣାଯାଏ ତେବେ ଭୋଜନ ବନ୍ଦ ରହିବା ବିଧି ରହିଛି । ୯ଦିନ ପରେ ଏହି ଉପାସନା ଉଦ୍‌ଯାପିତ ହୋଇଥାଏ। ପରମ୍ପରାନୁସାରେ ପଣାସଂକ୍ରାନ୍ତିରେ ମା'ମଙ୍ଗଳାଙ୍କ ଚଳନ୍ତି ପ୍ରତିମାକୁ କାଳିଶି ଓ ଭକ୍ତମାନେ ନିକଟସ୍ଥ ପାଣ୍ଡୁସାହୁପାଟଣା ବଡ଼ ପୋଖରୀ କୂଳରେ ସ୍ଥାପନା କରିଥିଲେ। କାଳିଶି ସ୍ନାନ କରିବା ପରେ ମା'ଙ୍କ ସମ୍ମୁଖରେ ମଦ, ଅଣ୍ଡା, ନଡ଼ିଆ, କଦଳୀ ରଖାଯାଇ ଧୂପ ଓ ଘିଅ ସଞ୍ଜ ଦିଆଯାଇଥିଲା । କାଳିଶି ମା'ଙ୍କ ପ୍ରତିମାକୁ ନେଇ ପୁଷ୍କରିଣୀ ଜଳ ମଧ୍ୟରେ ଠିଆ ହୋଇଥିଲେ । ପାଟମରା ମାନସିକଧାରୀ ଭକ୍ତମାନେ ପୁଷ୍କରିଣୀ ମଧ୍ୟରେ ମା'ଙ୍କ ପ୍ରତିମାକୁ ଜାବୁଡି ଧରି ଠିଆ ହୋଇଥିବା ବେଳେ ଅନ୍ୟ ଜଣେ ଭକ୍ତ ସେମାନଙ୍କ ପିଠିରେ ସିନ୍ଦୂର ଲଗାଇ ଅଙ୍କୁଶ କଣ୍ଟା ଫୋଡ଼ିଥିଲେ। କଣ୍ଟାର ଅପରପାର୍ଶ୍ୱରେ ଏକ ଶକ୍ତ ଦଉଡି ଲାଗିଥାଏ । ତେବେ ବିସ୍ମୟ ମନେହୁଏ ଯେ କଣ୍ଟା ଫୋଡ଼ାଗଲେ ମଧ ଭକ୍ତଙ୍କ ପିଠିରୁ ଟୋପାଟିଏ ରକ୍ତ ଝରି ନ ଥିଲା । ଏହାପରେ କାଳିଶି ପୂଜା ହୋଇଥିବା ଅଣ୍ଡାକୁ ଫୁଟାଇ ତା'ଉପରେ ମଦ ଢାଳିଥିଲେ । ଭକ୍ତମାନେ ଢୋଲବାଦ୍ୟର ତାଳେ ତାଳେ ନାଚି ନାଚି ଗ୍ରାମ ପରିକ୍ରମା କରିଥିଲେ। ଏହି ପାଟମରା ପର୍ବ ଦେଖିବାକୁ ହଜାର ହଜାର ଶ୍ରଦ୍ଧାଳୁ ସମାଗମ ହୋଇଥିଲେ । ଗ୍ରାମ ପରିକ୍ରମା ପରେ ସମସ୍ତ ପାଟମରା ଭକ୍ତ ଅରଟ ପାଖରେ ଉଭା ହେବା ପରେ ପାଟଭକ୍ତଙ୍କ ପିଠିରେ ଫୋଡାଯାଇଥିବା କଣ୍ଟାର ଅନ୍ୟ ପାର୍ଶ୍ୱରେ ବନ୍ଧା ହୋଇଥିବା ଦଉଡିକୁ ୨୦ଫୁଟ ଉଚ୍ଚ ଅରଟରେ ବାନ୍ଧି ଦିଆଯାଇଥିଲା । ଅରଟର ଅନ୍ୟ ପାର୍ଶ୍ୱକୁ ଭକ୍ତମାନେ ଦଉଡି ସାହାଯ୍ୟରେ ଘୂରାଇବା ବେଳେ ସଂପୃକ୍ତ ଭକ୍ତଙ୍କ ହାତ, ଗୋଡ ଭୂମି ସହ ସମାନ୍ତରାଳ ଭାବରେ ରହିଥାଏ। ଏହି ରୋମାଞ୍ଚକର ଦୃଶ୍ୟକୁ ହଜାର ହଜାର ଶ୍ରଦ୍ଧାଳୁ ଉପଭୋଗ କରିଥାନ୍ତି । ଅରଟରେ ବନ୍ଧା ହୋଇଥିବା ଆମ୍ବକୁ ପାଟମରା ଭକ୍ତ ଉପସ୍ଥିତ ଜନଗହଳି ମଧ୍ୟକୁ ଫିଙ୍ଗିଥିଲେ। ଲୋକେ ଏହାକୁ ପାଇବା ପାଇଁ ଚାତକ ପରି ଚାହିଁ ରହିଥାନ୍ତି। ବିଶ୍ୱାସ ଅଛି, ଏହି ଆମ୍ବକୁ ଯିଏ ପାଇବ ତା'ର ମାନସିକ ପୂରଣ ହେବ। ସ୍ଥାନୀୟ ତିଅରସାହିର ପାଟଭକ୍ତମାନେ ସ୍ନାନ କରି ପଟୁଆରରେ ବାଘ, ଭାଲୁ, ବଗ ବଗୁଲି, ରାମ ପର୍ଶୁରାମ ଭେଟ, ଚକୋର ଚକୋରୀ ବେଶ ଧାରଣ କରିଥିଲେ। ଘଣ୍ଟଘଣ୍ଟି, ମର୍ଦ୍ଦନ ନାଦ, ସଂକୀର୍ତ୍ତନ ଦଳ ମାଧ୍ୟମରେ ନଗର ପରିକ୍ରମା କରାଯାଏ। କୃଷ୍ଣଚନ୍ଦ୍ରପୁର ପାଟଣା ନିକଟ ଚଣ୍ଡୀମନ୍ଦିର ପାଖକୁ କାଳିଶିଙ୍କ ସହ ଆସି ପୂଜାର୍ଚ୍ଚନା ପରେ ୫୧ ହାତ ଲମ୍ବର ଏକ ଝାମୁଗର୍ତ୍ତରେ ପ୍ରସ୍ତୁତ ହୋଇଥିବା ନିଆଁ ଉପରେ ପାଟଭକ୍ତମାନେ ଖାଲି ପାଦରେ ଚାଲିଥିଲେ ।



ଜଣେ ପାଟ ଦଣ୍ଡୁଆ ଅରଟିରେ ଝୁଲିବା ପାଇଁ ପ୍ରସ୍ତୁତ ହେଉଛନ୍ତି।



ମା'ଙ୍କୁ ଅଣ୍ଡା, ମଦରେ ପୂଜା କରାଯାଉଛି।

- ମା' ମଙ୍ଗଳାଙ୍କୁ ଅର୍ପଣ କରାଯାଏ ମଦ, ଅଣ୍ଡା
- ରୋମାଞ୍ଚକ ସୃଷ୍ଟି କରେ ପିଠିରେ କଣ୍ଟା ଫୋଡି ପାଠଭକ୍ତଙ୍କ ଓହଳିବା

## ଚିଲିକାରେ ବିଜେଡିର ରୋଡ୍ ଶୋ

**ବାଲୁଗାଁ,୧୪।୪(ଡି.ଏନ.ଏ.)**

ନିର୍ବାଚନ ଯେତିକି ପାଖେଇ ଆସୁଛି ରାଜନୈତିକ ଉଷ୍ମତା ସେତିକି ବୃଦ୍ଧି ପାଉଛି । ଆସନ୍ତା ୨୩ ତାରିଖ ତୃତୀୟ ପର୍ଯ୍ୟାୟରେ ଚିଲିକା ନିର୍ବାଚନମଣ୍ଡଳୀରେ ନିର୍ବାଚନ ଅନୁଷ୍ଠିତ ହେବ। ଏଥିଲାଗି ବିଭିନ୍ନ ରାଜନୈତିକ ଦଳ ସେମାନଙ୍କ ପ୍ରଚାର କାର୍ଯ୍ୟ ଜୋର୍‌ଦାର୍ କରିଛନ୍ତି। ରବିବାର ସନ୍ଧ୍ୟାରେ ବିଜେଡି ପକ୍ଷରୁ ବିଧାନସଭା ଓ ଏମ୍‌ପି ପ୍ରାର୍ଥୀଙ୍କୁ ନେଇ ରୋଡ଼ ଶୋ ଅନୁଷ୍ଠିତ ହୋଇଥିଲା। ତିନି ହେଭିୱେଟ୍ ନେତା ତଥା ବିଜେଡି ଲୋକ ସଭା ପ୍ରାର୍ଥୀ ପିନାକୀ ମିଶ୍ର, ବିଧାନସଭା ପ୍ରାର୍ଥୀ ପ୍ରଶାନ୍ତ ଜଗଦ୍ଦେବ ଓ ପୂର୍ବତନ ବିଧାୟକ ରଘୁନାଥ ସାହୁ ରୋଡ଼ ଶୋ'ରେ ଯୋଗଦେଇ ନାଭାଲ ଛକଠାରୁ ବାଲୁଗାଁ ମା'ଉତ୍ତରାୟଣୀ ମନ୍ଦିର ପର୍ଯ୍ୟନ୍ତ ଯାତ୍ରା କରିଥିଲେ। ଶତାଧିକ ବିଜେଡି କର୍ମୀ ଏଥିରେ ସାମିଲ ହୋଇଥିବା ବେଳେ ଅଞ୍ଚଳବାସୀଙ୍କ ପକ୍ଷରୁ ପ୍ରାର୍ଥୀଙ୍କୁ ସମର୍ଥନ ଜଣାଉଥିବା ଦେଖିବାକୁ ମିଳିଥିଲା। ବିଭିନ୍ନ ପଞ୍ଚାୟତରେ ମଧ୍ୟ ବିଜେଡି ପକ୍ଷରୁ ରୋଡ଼ ଶୋ ଓ ପ୍ରଚାର ଅଭିଯାନ ସହ ଭୋଟରଙ୍କ ନିକଟତର ହୋଇ ପ୍ରାର୍ଥୀମାନେ ଭୋଟ ଭିକ୍ଷାରେ ଲାଗି ପଡ଼ିଛନ୍ତି । ଚିଲିକା ଅଞ୍ଚଳର ବିଜେଡି ନେତା ତଥା ପୂର୍ବତନ ବିଧାୟକ ରଘୁନାଥ ସାହୁ ଚଳିତ ନିର୍ବାଚନରେ ଟିକେଟରୁ ବଞ୍ଚିତ ହୋଇ ମଧ୍ୟ ପ୍ରାର୍ଥୀ ପ୍ରଶାନ୍ତ ଜଗଦ୍ଦେବଙ୍କୁ ବିଜୟୀ କରାଇବା ପାଇଁ ଉଦ୍ୟମ ଜାରି ରଖିଛନ୍ତି । ଏଠାରେ ମୁଖ୍ୟତଃ ଦୁଇ ପ୍ରମୁଖ ରାଜନୈତିକ ଦଳ ଭାଜପା ଓ ବିଜେଡି ମଧ୍ୟରେ କଡା ଟକ୍କର ହେଉଥିବା ବେଳେ ବିଜେଡିର ପଲ୍ଲା ଭାରି ଥିବା ସାଧାରଣରେ ଚର୍ଚ୍ଚା ହେଉଛି।